ଧରିତ୍ରୀ
DHARITRI
51 Years
ଭୁବନେଶ୍ୱର, ଶୁକ୍ରବାର, ଏପ୍ରିଲ ୧୧/୨୦୨୫ (୧୪ ପୃଷ୍ଠା) | Bhubaneswar, Friday, April 11/2025 | Page 14 | ₹ 7.00 | SAMBALPUR
୫୧ଶ ଭାଗ ୧୩୬ ସଂଖ୍ୟା | www.orissakhabar.com/www.dharitri.com | Printed at Sambalpur, Bhubaneswar, Rayagada & Angul | VOLUME 51 ISSUE 136 | ମୂଲ୍ୟ ₹୭/-

DSPL-24



**ଶ୍ରୀ ନରେନ୍ଦ୍ର ମୋଦୀ**
ପ୍ରଧାନମନ୍ତ୍ରୀ



**ଶ୍ରୀ ଜଗତ ପ୍ରକାଶ ନଡ୍ଡା**
କେନ୍ଦ୍ର ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ, ସାର ଓ ରସାୟନ ମନ୍ତ୍ରୀ

**ଶ୍ରୀ ମୋହନ ଚରଣ ମାଝୀ**
ମୁଖ୍ୟମନ୍ତ୍ରୀ, ଓଡ଼ିଶା

# ଶୁଭାରମ୍ଭ

## ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା (ଏ.ବି.ପିଏମ୍.ଜେ.ଏ.ୱାଇ) ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା (ଜି.ଜେ.ଏ.ୱାଇ)ର ନୂଆ ଏକକ କାର୍ଡ଼ ବିତରଣ ଏବଂ ଆୟୁଷ୍ମାନ ବୟୋ ବନ୍ଦନା ଯୋଜନା (ଏ.ଭି.ଭି.ୱାଇ)

**ମୁଖ୍ୟ ଅତିଥି**

**ଶ୍ରୀ ଜଗତ ପ୍ରକାଶ ନଡ୍ଡା**
କେନ୍ଦ୍ର ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ, ସାର ଓ ରସାୟନ ମନ୍ତ୍ରୀ

**ଗରିମାମୟ ଉପସ୍ଥିତି**

**ଶ୍ରୀ ମୋହନ ଚରଣ ମାଝୀ**
ମୁଖ୍ୟମନ୍ତ୍ରୀ, ଓଡ଼ିଶା

**ଶ୍ରୀ ଧର୍ମେନ୍ଦ୍ର ପ୍ରଧାନ**
କେନ୍ଦ୍ର ଶିକ୍ଷା ମନ୍ତ୍ରୀ

**ଶ୍ରୀ ଜୁଏଲ୍ ଓରାମ**
କେନ୍ଦ୍ର ଜନଜାତି ବ୍ୟାପାର ମନ୍ତ୍ରୀ

**ଶ୍ରୀ ଅଶ୍ୱିନୀ ବୈଷ୍ଣବ**
କେନ୍ଦ୍ର ରେଳ, ସୂଚନା ଏବଂ ପ୍ରସାରଣ ତଥା ଇଲେକ୍ଟ୍ରୋନିକ୍ସ ଓ ସୂଚନା ପ୍ରଯୁକ୍ତିବିଦ୍ୟା ମନ୍ତ୍ରୀ

**ଶ୍ରୀ କନକ ବର୍ଦ୍ଧନ ସିଂହ ଦେଓ**
ଉପ-ମୁଖ୍ୟମନ୍ତ୍ରୀ, ଓଡ଼ିଶା

**ଶ୍ରୀମତୀ ପ୍ରଭାତୀ ପରିଡ଼ା**
ଉପ-ମୁଖ୍ୟମନ୍ତ୍ରୀ, ଓଡ଼ିଶା

**ଡ଼. ମୁକେଶ ମହାଲିଙ୍ଗ**
ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ, ସଂସଦୀୟ ବ୍ୟାପାର, ଇଲେକ୍ଟ୍ରୋନିକ୍ସ ଓ ସୂଚନା ପ୍ରଯୁକ୍ତିବିଦ୍ୟା ମନ୍ତ୍ରୀ, ଓଡ଼ିଶା

**୧୧ ଏପ୍ରିଲ୍ ୨୦୨୫ | ଅପରାହ୍ଣ ୨.୩୦ ଘଟିକା | ବାଲିଯାତ୍ରା ପଡ଼ିଆ, କଟକ**

OIPR-10001/13/0049/2425




ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ, ଓଡ଼ିଶା ସରକାର

**୮ ଜୁଆଡ଼ି ଗିରଫ, ଟଙ୍କା ଜବତ**

ଟିଟିଲାଗଡ଼,(ଶରତ ମିଶ୍ର): ବୁଧବାର ରାତିରେ ପୋଲିସ ପକ୍ଷରୁ ଟିଟିଲାଗଡ଼ ସହରର ବ୍ଲକ ପଡାରେ ଚଢ଼ାଉ କରାଯାଇ ୮ ଜଣ ଜୁଆଡ଼ିଙ୍କୁ ଗିରଫ କରାଯାଇଛି। ଏହାଛଡ଼ା ପୋଲିସ ସେମାନଙ୍କ ଠାରୁ ୨୭ ହଜାର ୪୪୦ ଟଙ୍କା ଜବତ କରିଛି। ଟିଟିଲାଗଡ଼ ପୋଲିସ ପକ୍ଷରୁ ଗୁରୁବାର ସ୍ଥାନୀୟ ଥାନା ପରିସରରେ ଅନୁଷ୍ଠିତ ଖବରଦାତା ସମ୍ମିଳନୀରେ ଏହି ସୂଚନା ଦିଆଯାଇଛି। ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ବଲାଙ୍ଗୀର ଏସ୍‌ପିଙ୍କ ନିର୍ଦ୍ଦେଶ କ୍ରମେ ଟିଟିଲାଗଡ଼ ଏସଡିପିଓ ଯଶୋବନ୍ତ ପ୍ରଧାନ, ଆଇଆଇସି ଜଲଧାର ବେହେରା, ସବ୍‌ଇନ୍ସପେକ୍ଟର କିରଣ ଜାନି, ଏମ କେ ପାଣ୍ଡେ ପ୍ରମୁଖ ବ୍ଲକ ପଡାରେ ଚଢ଼ାଉ କରିଥିଲେ। ସମସ୍ତ ଅଭିଯୁକ୍ତଙ୍କୁ ଗୁରୁବାର ପୋଲିସ କୋର୍ଟ ଚାଲାଣ କରିଛି।



# ଟିଟିଲାଗଡ଼ରୁ ଉଦ୍ଧାରହେଲା ନବଜାତ ଶିଶୁ ପୁତ୍ର

**ଭୀମ ଭୋଇ ମେଡିକାଲ କଲେଜ ହସ୍ପିଟାଲରୁ ଶିଶୁ ବିକ୍ରି ଘଟଣା**

**ଶିଶୁ ବିକ୍ରି ଅଭିଯୋଗର ତଦନ୍ତ ହେବ କହିଲେ ଏଡିଏମ୍**

ବଲାଙ୍ଗୀର,୧୦।୪(ବୀରେନ୍ଦ୍ର କୁମାର ଝାଙ୍କର)

ବଲାଙ୍ଗୀର ଭୀମ ଭୋଇ ମେଡିକାଲ କଲେଜ ହସ୍ପିଟାଲରୁ ଏକ ନବଜାତ ଶିଶୁପୁତ୍ର ବିକ୍ରି ଅଭିଯୋଗ ହୋଇଥିଲା। ଏହି ଖବର ପ୍ରଘଟ ହେବା ପରେ ଏକ ମିଳିତ ପ୍ରଶାସନିକ ଟିମ୍ ବୁଧବାର ରାତିରେ ଟିଟିଲାଗଡ଼ରୁ ସମ୍ପୃକ୍ତ ଶିଶୁପୁତ୍ରକୁ ଉଦ୍ଧାର କରିଥିବା ଜଣାପଡ଼ିଛି। ଟିଟିଲାଗଡ଼ ହାଟପଦାପଡା ଅଞ୍ଚଳରୁ ପୋଲିସ ଶିଶୁପୁତ୍ରକୁ ଉଦ୍ଧାର କରିଥିବା ସୂଚନା ଦିଆଯାଇଛି। ଉଦ୍ଧାର ପରେ ଶିଶୁପୁତ୍ରକୁ ତାଙ୍କ ମା', ଶିଶୁ ମଙ୍ଗଳ ସମିତି (ସିଡବ୍ଲୁସି), ଜିଲା ଶିଶୁ ସୁରକ୍ଷା ୟୁନିଟ୍ (ଡିସିପିୟୁ), ଚାଇଲ୍ଡ ଲାଇନ୍ ସଦସ୍ୟଙ୍କ ଉପସ୍ଥିତିରେ ସ୍ଥାନୀୟ ସ୍ୱତନ୍ତ୍ର ପୌଷ୍ୟ ସନ୍ତାନ ଗ୍ରହଣ ସଂସ୍ଥାକୁ ହସ୍ତାନ୍ତର କରାଯାଇଛି। ଶିଶୁପୁତ୍ର ହସ୍ତାନ୍ତର ବେଳେ ଡିସିପିୟୁର ସାମାଜିକ କର୍ମୀ ଅରୁଣ କୁମାର ଖୁଆସ, ସିଡବ୍ଲୁସି ସଦସ୍ୟା ଏସ୍. ଲତାଶ୍ରୀ, ଲିନା ବାବୁ, ସନ୍ଧ୍ୟାରାଣୀ ପଣ୍ଡା, ସ୍ୱତନ୍ତ୍ର ପୌଷ୍ୟ ସନ୍ତାନ ଗ୍ରହଣ ସଂସ୍ଥା ପ୍ରୋଗ୍ରାମ ମ୍ୟାନେଜର ଦେବାଶିଷ ପଟେଲ ଓ ଅନ୍ୟମାନେ ଉପସ୍ଥିତ ଥିଲେ। ଉକ୍ତ ଶିଶୁର ସ୍ୱାସ୍ଥ୍ୟାବସ୍ଥା ଠିକ୍ ରହିଛି ଏବଂ ଶିଶୁ ବିକ୍ରି ଅଭିଯୋଗର ତଦନ୍ତ ଚାଲିଛି ବୋଲି ଅତିରିକ୍ତ ଜିଲାପାଳ (ଏଡିଏମ୍) ପବିତ୍ର ବେହେରା ଗୁରୁବାର ଗଣମାଧ୍ୟମକୁ ସୂଚନା ଦେଇଛନ୍ତି। ଶିଶୁ ବିକ୍ରି ଘଟଣା ନେଇ ସିଡବ୍ଲୁସି ପକ୍ଷରୁ ଗୁରୁବାର ରାତିରେ ବଲାଙ୍ଗୀର ଟାଉନ ଥାନାରେ ମାମଲା ରୁଜୁ ହୋଇଛି । ଏଥିରେ ୩ ଜଣଙ୍କୁ ଅଭିଯୁକ୍ତ ଦର୍ଶାଇ ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି କରାଯାଇଛି। ଏହି ୩ ଜଣ ହେଲେ କୁନି ପଶାୟତ, ଶୋଭାକର ପଶାୟତ ଓ ଭାଗ୍ୟ ବାରିକ ବୋଲି ଜଣାଯାଇଛି । ମିଳିଥିବା ସୂଚନା ଅନୁଯାୟୀ, ବଲାଙ୍ଗୀର ମାଲପଡ଼ାଠାରେ ଭଡ଼ାରେ ରହୁଥିବା ଜଣେ ମହିଳା ଗତ ୬ ତାରିଖରେ ଉକ୍ତ ଭଡ଼ାଘରେ ଏକ ଶିଶୁପୁତ୍ର ଜନ୍ମ ଦେଇଥିଲେ। ଜନ୍ମଦେବା ପରେ ମହିଳା ଜଣକ ଅସୁସ୍ଥ ହୋଇପଡିବାରୁ ତାଙ୍କୁ ଓ ଶିଶୁପୁତ୍ରକୁ ଭୀମ ଭୋଇ ମେଡିକାଲ କଲେଜ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ସେଠାରେ ସେ ୨ଦିନ ରହିବା ପରେ ୮ ତାରିଖରେ ତାଙ୍କୁ ଡିସ୍‌ଚାର୍ଜ କରାଯାଇଥିଲା। ତେବେ ସମ୍ପୃକ୍ତ ମହିଳା ଜଣକ ହସ୍ପିଟାଲରୁ ଡିସ୍‌ଚାର୍ଜ ହେବା ପରେ ଶିଶୁପୁତ୍ର ସହ ଘରକୁ ନ ଫେରି ଏକା ଫେରିବାରୁ ଶିଶୁଟି ବିକ୍ରି ହୋଇଥିବା ପ୍ରଚାର ହୋଇଥିଲା। ଏହି ଘଟଣା ପ୍ରଚାରିତ ହେବା ପରେ ଡିସିପିୟୁ, ଚାଇଲ୍ଡ ଲାଇନ୍ ଏବଂ ସିଡବ୍ଲୁସି ଟିମ୍ ତଦନ୍ତ ଆରମ୍ଭ କରିଥିଲେ। ଖବର ପାଇ ଜିଲା ସମାଜ ମଙ୍ଗଳ ଅଧିକାରୀ ସୁଷମା ମହାପାତ୍ର ଏବଂ ଏଡିଏମ୍ ବେହେରା ମାଲପଡ଼ା ଯାଇ ସମ୍ପୃକ୍ତ ମହିଳାଙ୍କୁ ପଚରାଉଚରା କରିଥିଲେ। ନବଜାତ ଶିଶୁପୁତ୍ର ଟିଟିଲାଗଡ଼ର ହାଟପଦାପଡା ଅଞ୍ଚଳର ଜଣେ ମହିଳାଙ୍କ ନିକଟରେ ଥିବା ସୂଚନା ପାଇ ମିଳିତ ପ୍ରଶାସନିକ ଟିମ୍ ଟିଟିଲାଗଡ଼ ଅଭିମୁଖେ ବାହାରିଥିଲେ। ଟିଟିଲାଗଡ଼ ପୋଲିସ ହାଟପଦାପଡା ଅଞ୍ଚଳରୁ ସମ୍ପୃକ୍ତ ଶିଶୁପୁତ୍ରକୁ ଉଦ୍ଧାର କରିଥିବା ମିଳିତ ପ୍ରଶାସନିକ ଟିମ୍‌କୁ ଖବର ଦେଇଥିଲା। ଅନ୍ୟ ଏକ ସୂତ୍ରରୁ ମିଳିଥିବା ଖବର ଅନୁସାରେ ସଇଁତଲା ଥାନା ଭଦ୍ରା ଗାଁର ଜଣେ ବ୍ୟକ୍ତିଙ୍କ ନିକଟରୁ ଶିଶୁପୁତ୍ର ଉଦ୍ଧାର ହୋଇଥିବା ଜଣାପଡିଛି। ପୋଲିସ କାହିଁକି ବୁଲେଇ ବଙ୍କେଇ ଶିଶୁ ମିଳିବା ଘଟଣା ସମ୍ପର୍କରେ ସୂଚନା ଦେଉଛି ଜଣାପଡିନାହିଁ। ପ୍ରଶାସନିକ ଟିମ୍ ଉଦ୍ଧାର ଶିଶୁପୁତ୍ରକୁ ଏବେ ସ୍ୱତନ୍ତ୍ର ପୌଷ୍ୟ ସନ୍ତାନ ଗ୍ରହଣ ସଂସ୍ଥାରେ ରଖିଥିଲେ ସୁଦ୍ଧା କିଏ, କେଉଁ ପରିସ୍ଥିତିରେ ଏବଂ କେତେ ଟଙ୍କା ଦେଇ ନବଜାତ ଶିଶୁକୁ ଭୀମ ଭୋଇ ମେଡିକାଲ କଲେଜ ହସ୍ପିଟାଲରୁ ଟିଟିଲାଗଡକୁ ନେଲା ତାହା ପ୍ରଶାସନ ସ୍ପଷ୍ଟ କରିନାହିଁ । ସିଡବ୍ଲୁସି ସଦସ୍ୟମାନେ ଏହି ଘଟଣାକୁ ଶିଶୁ ବିକ୍ରି ବୋଲି ସନ୍ଦେହ କରୁଛନ୍ତି। ସେମାନଙ୍କ ପାଖରେ ପହଞ୍ଚିଥିବା ସୂଚନା ମୁତାବକ ୨୦ ହଜାର ଟଙ୍କାରେ ଶିଶୁବିକ୍ରି ହୋଇଥିଲା ଏବଂ ପ୍ରଥମ ପର୍ଯ୍ୟାୟରେ ଶିଶୁର ମା'ଙ୍କୁ ଫୋନ୍ ପେ'ରେ ୫ ହଜାର ଟଙ୍କା ଦିଆଯାଇଥିବା ସିଡବ୍ଲୁସି ସଦସ୍ୟମାନେ ଗଣମାଧ୍ୟମକୁ ଜଣାଇଛନ୍ତି। ବଲାଙ୍ଗୀର ଜିଲାରେ ଶିଶୁ ବିକ୍ରି ରାକେଟ୍ ସକ୍ରିୟ ରହିଛି ଏବଂ ଏହାର ସିବିଆଇ ତଦନ୍ତ ହେଲେ ଏହି ରାକେଟର ପର୍ଦ୍ଦାଫାଶ ହୋଇପାରିବ ବୋଲି ସଦସ୍ୟମାନେ ଗଣମାଧ୍ୟମକୁ କହିଛନ୍ତି। ସିଡବ୍ଲୁସି ସଦସ୍ୟଙ୍କ ଏଭଳି ମନ୍ତବ୍ୟ ଉପରେ ଏଡିଏମ୍ ବେହେରାଙ୍କୁ ପଚାରିବାରୁ ଶିଶୁବିକ୍ରି ହୋଇଛି କି ନାହିଁ ସେନେଇ ତଦନ୍ତ କରାଯିବ । ପରେ ଏ ସଂକ୍ରାନ୍ତରେ ଗଣମାଧ୍ୟମକୁ ସୂଚନା ଦିଆଯିବ ବୋଲି କହିଛନ୍ତି। ବଲାଙ୍ଗୀର ଜିଲାର ଟିଟିଲାଗଡ଼, ପାଟଣାଗଡ଼, ଲାଠୋର ଏବଂ ଭୀମ ଭୋଇ ମେଡିକାଲ କଲେଜ ହସ୍ପିଟାଲରୁ ଶିଶୁ ଗାଏବ ଘଟଣାଗୁଡିକ ଶିଶୁବିକ୍ରି ସହ ଜଡିତ ବୋଲି ଆଲୋଚନା ଜୋର ଧରିଛି।



ଟିଟିଲାଗଡ଼ ପୋଲିସ ଉଦ୍ଧାର କରିଥିବା ଶିଶୁପୁତ୍ରକୁ ହସ୍ତାନ୍ତର କରାଯାଉଛି।

# ବଚସାରୁ ମରଣାନ୍ତକ ଆକ୍ରମଣ: ନାବାଳକ ଗୁରୁତର

- ତାରିଣୀ ଯାତ୍ରାରେ ଅଘଟଣ
- ୨ଜଣ ଥାନାରେ ଅଟକ

ବେଲପଡା,୧୦।୪(ମନୋଜ କୁମାର ମିଶ୍ର)

ବଲାଙ୍ଗୀର ଜିଲା ବେଲପଡାରେ ଚାଲିଥିବା ତାରିଣୀ ପୂଜା ଯାତ୍ରାରେ ବୁଧବାର ବିଳମ୍ବିତ ରାତିରେ ସାମାନ୍ୟ ବଚସାକୁ ନେଇ ସାଙ୍ଗ ସାଙ୍ଗ ମଧ୍ୟରେ ଗଣ୍ଡଗୋଳ ହୋଇଛି। ଗଣ୍ଡଗୋଳରେ ବେଲପଡାର ହେମସାଗର ପୁଟେଲ (୧୭) ଗୁରତର ଆହତ ହୋଇଛନ୍ତି। ଘଟଣାରେ ସଂପୃକ୍ତ ଥିବା ଅଭିଯୋଗରେ ଡୁଙ୍ଗୁରିପାଲି ଗାଁର ଦୁଇ ନାବାଳକଙ୍କୁ ପୋଲିସ ଅଟକ ରଖିଛି।

ପ୍ରକାଶ ଯେ, ବେଲପଡା ଓ ଡୁଙ୍ଗୁରିପାଲି ଗାଁର ପ୍ରାୟ ୪ ରୁ ୫ ଜଣ ସାଙ୍ଗ ବୁଧବାର ତାରିଣୀ ପୂଜା ଯାତ୍ରାରେ ସାମିଲ ହୋଇଥିଲେ। ସେଠାରେ ଚାଲିଥିବା ଡ୍ୟାନ୍ସ ପୋଗ୍ରାମ ବେଳେ କୌଣସି କଥାକୁ ନେଇ ସେମାନଙ୍କ ମଧ୍ୟରେ ବଚସା ହୋଇଥିଲା। ତାପରେ ହେମସାଗରଙ୍କୁ ଏକ ଧାରୁଆ ଅସ୍ତ୍ରରେ ଆକ୍ରମଣ କରାଯାଇଥିଲା। ଆକ୍ରମଣରେ ତାଙ୍କ ଶରୀରର ବିଭିନ୍ନ ସ୍ଥାନରେ ଗଭୀର କ୍ଷତ ହୋଇଛି। ଗୁରୁତର ଅବସ୍ଥାରେ ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ବେଲପଡା ଡାକ୍ତରଖାନା ନେଇଥିଲେ । ପରେ ତାଙ୍କୁ ବଲାଙ୍ଗୀର ଡାକ୍ତରଖାନାକୁ ସ୍ଥାନାନ୍ତରିତ କରାଯାଇଛି। ଅନ୍ୟପଟେ ଗଣ୍ଡଗୋଳ କରିଥିବା ଦୁଇ ଜଣ ସାଙ୍ଗଙ୍କୁ ପୂଜା କମିଟି କାବୁ କରି ଥାନାରେ ଜିମା ଦେଇଥିଲେ। ଏ ସମ୍ପର୍କରେ ବେଲପଡା ଥାନା ଅଧିକାରୀ ଅନନ୍ତ ପଧାନଙ୍କୁ ପଚାରିବାରେ ଦୁଇ ନାବାଳକଙ୍କୁ ଅଟକ ରଖାଯାଇ ପଚରାଉଚରା କରାଯାଉଛି । ଏ ନେଇ ଥାନାରେ ଏକ ମାମଲା ରୁଜୁ ହୋଇଛି।

# ଷୋହଳ ପ୍ରହର ନାମଯଜ୍ଞ ଉଦ୍‌ଯାପିତ



କଳସ ଶୋଭାଯାତ୍ରା ।

ଖପ୍ରାଖୋଲ,୧୦।୪(ଅଭୟ ତ୍ରିପାଠୀ)

ଖପ୍ରାଖୋଲ ବ୍ଲକ ଓଡ଼ିଆପାଲି ପଞ୍ଚାୟତ ବୁଢିବାହାଲ ଗାଁର ୭୭ତମ ଷୋହଳ ପ୍ରହର ନାମଯଜ୍ଞ ଉଦ୍‌ଯାପିତ ହୋଇଯାଇଛି। ପ୍ରଥମ ଦିନ ଅଧିବାସ ସହିତ ନାମଯଜ୍ଞ ଆରମ୍ଭ ହୋଇଥିବା ବେଳେ ୯ଟି ସଙ୍କୀର୍ତ୍ତନ ଦଳ ଭାଗ ନେଇଥିଲେ। ଶେଷ ଦିନ ଉଦ୍‌ଯାପନୀ ସହିତ କଳସ ଭସାଣି ଶୋଭାଯାତ୍ରା ଅନୁଷ୍ଠିତ ହୋଇଥିଲା। ପରେ ବୈଠକୀ କୀର୍ତ୍ତନ ହୋଇଥିବା ବେଳେ ବାୟକ, ଗାୟକ ମାନଙ୍କୁ ପ୍ରମାଣପତ୍ର ବଣ୍ଟନ କରାଯାଇଥିଲା। ପୂଜା କର୍ତ୍ତା ଭାବେ ହର୍ଷରାମ ଖର୍ସେଲ ସପତ୍ନିକ କାର୍ଯ୍ୟ ସମ୍ପାଦନ କରିଥିଲେ । ପଣ୍ଡିତ ସତ୍ୟପ୍ରିୟ ତ୍ରିପାଠୀ, ଯୁବରାଜ ତ୍ରିପାଠୀ, ମାନସ ତ୍ରିପାଠୀ ପୂଜକ ଦାୟିତ୍ୱ ତୁଲାଇଥିଲେ। ଏହି ଅବସରରେ ଗାଁ କମିଟି ସଭାପତି ପ୍ରଦ୍ୟୁମ୍ନ ସାହୁ, ସମ୍ପାଦକ ଚନ୍ଦ୍ରମଣି ଖର୍ସେଲଙ୍କ ସମେତ ଗ୍ରାମବାସୀ ସକ୍ରିୟ ଅଂଶଗ୍ରହଣ କରିଥିଲେ। ନାମଯଜ୍ଞ ପାଇଁ ତିନି ଦିନ ଧରି ଗାଁ ଉତ୍ସବମୁଖର ହୋଇ ଉଠିଥିଲା।

## ସଂକ୍ଷେପରେ

### ବାଇକ୍ ଦୁର୍ଘଟଣାଗ୍ରସ୍ତ: ଯୁବକ ମୃତ

ଦେଓଗାଁ,୧୦।୪(କୃଷ୍ଣ ପ୍ରସାଦ ପାଣିଗ୍ରାହୀ)

ବଲାଙ୍ଗୀର ଜିଲା ଦେଓଗାଁ ଥାନା ଅଧୀନ ଡୁମେରଯୋର ଗାଁର ଉଦ୍ଧବ କୁମୁରା (୩୭)ଙ୍କ ବାଇକ୍ ଦୁର୍ଘଟଣାରେ ମୃତ୍ୟୁ ଘଟିଛି। ପ୍ରକାଶ ଯେ, ଉଦ୍ଧବ ଓ ସୁବିନ ଧରୁଆ ବାଇକ୍ ଯୋଗେ ବୃଡାପାଲିରୁ ଘରକୁ ଫେରୁଥିଲେ। ଏହି ସମୟରେ ଜିରେଟମାଲ ନିକଟରେ ବାଇକ୍‌ଟି ଭାରସାମ୍ୟ ହରାଇ ଦୁର୍ଘଟଣାଗ୍ରସ୍ତ ହୋଇଥିଲା। ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ବଲାଙ୍ଗୀର ଭୀମଭୋଇ ମେଡିକାଲକୁ ଚିକିତ୍ସା ପାଇଁ ପଠାଇଥିଲେ। ସେଠାରେ ଡାକ୍ତର ଉଦ୍ଧବ ଙ୍କୁ ମୃତ ଘୋଷଣା କରିଥିଲେ ।

### କଳସ ଯାତ୍ରା

ଲାଠୋର,୧୦।୪(ଭୁବନେଶ୍ୱର ବାରିକ)

ଖପ୍ରାଖୋଲ ବ୍ଲକ ଲାଠୋର ହନୁମାନ ମନ୍ଦିର ପ୍ରାଙ୍ଗଣରେ ୨୪ ପ୍ରହର ଅଖଣ୍ଡ ନାମଯଜ୍ଞ ପାଇଁ ଗୁରୁବାର କଳସ ଯାତ୍ରା ଅନୁଷ୍ଠିତ ହୋଇଯାଇଛି। ହନୁମାନ ମନ୍ଦିର ପୂଜା କମିଟି ଆନୁକୂଲ୍ୟରେ ୫ ଶହରୁ ଉର୍ଦ୍ଧ୍ୱ ମହିଳା ଗ୍ରାମର ରାଧାକୃଷ୍ଣ ମନ୍ଦିରରୁ କଳସ ଯାତ୍ରାରେ ବାହାରି ହନୁମାନ ମନ୍ଦିର ନାମଯଜ୍ଞ ମଣ୍ଡପରେ ସ୍ଥାପନ କରିଛନ୍ତି । ଶୁକ୍ରବାର ସକାଳୁ ନାମ ଆରମ୍ଭ ହେବ । ଏଥିରେ ୧୪ ଗୋଟି ନାମ ସଙ୍କୀର୍ତ୍ତନ ଦଳ ଅଂଶଗ୍ରହଣ କରିବେ ବୋଲି ଜଣାଯାଇଛି ।

### ବିଇଓଙ୍କୁ ଅତିରିକ୍ତ ଜିଲା ଶିକ୍ଷା ଅଧିକାରୀ ଭାବେ ପଦୋନ୍ନତି

ଲୋଇସିଂହା,୧୦।୪(ସୁଶାନ୍ତ ବାରିକ)

ରାଜ୍ୟ ସରକାରଙ୍କ ସ୍କୁଲ ଓ ଗଣଶିକ୍ଷା ବିଭାଗ ନିର୍ଦ୍ଦେଶନାମା ପତ୍ର ସଂଖ୍ୟା -୧୦୧୦୯(୭।୪।୨୦୨୫) ଅନୁଯାୟୀ ଓଡିଶା ଏଜୁକେଶନ ସର୍ଭିସ (ଏସ୍‌ବି) (ଗ୍ରୁପ -ଏ) କେତେକ ଅଧିକାରୀଙ୍କୁ ପଦୋନ୍ନତି ମିଳିବା ସହିତ ଅନ୍ୟତ୍ର ବଦଳି କରାଯାଇଛି। ଏହି କ୍ରମରେ ବଲାଙ୍ଗୀର ଜିଲା ଲୋଇସିଂହା ବ୍ଲକ ଗୋଷ୍ଠୀ ଶିକ୍ଷା ଅଧିକାରୀ ରୀନା କୁମାରୀ ବେହେରାଙ୍କୁ ପଦୋନ୍ନତି ମିଳିଛି । ତାଙ୍କୁ ବଲାଙ୍ଗୀର ଜିଲା ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟର ଅତିରିକ୍ତ ଜିଲା ଶିକ୍ଷା ଅଧିକାରୀ ଭାବେ ଅବସ୍ଥାପିତ କରାଯାଇଛି। ଏହା ଜଣାପଡ଼ିବା ପରେ କାର୍ଯ୍ୟାଳୟର କର୍ମଚାରୀ ଓ ବ୍ଲକର ଶିକ୍ଷକଙ୍କ ମହଲରେ ଖୁସିର ଲହରି ଖେଳିଯାଇଛି । ରୀନା କୁମାରୀ ୨୦୧୬ରେ ଟିଟିଲାଗଡ ବାଳିକା ଉଚ୍ଚ ବିଦ୍ୟାଳୟରେ ପ୍ରଧାନ ଶିକ୍ଷୟିତ୍ରୀ ଭାବେ ନିଯୁକ୍ତ ହୋଇଥିଲେ। ପଦୋନ୍ନତି ପାଇ ୨୦୧୮ ନଭେମ୍ବର ମାସରେ ଲୋଇସିଂହା ବ୍ଲକରେ ଗୋଷ୍ଠୀ ଶିକ୍ଷା ଅଧିକାରୀ ଭାବେ ଯୋଗଦାନ କରିଥିଲେ। ଖପ୍ରାଖୋଲ ବିଇଓଙ୍କୁ ବୌଦ୍ଧ ଜିଲା ଏଡିଇଓ, ଟିଟିଲାଗଡ ବଙ୍କେଲ ହାଇସ୍କୁଲର ପ୍ରଧାନ ଶିକ୍ଷକ ପ୍ରବିର କୁମାର ପଣ୍ଡାଙ୍କୁ ଯାଜପୁର ଏଡିଇଓ ଭାବେ ପଦୋନ୍ନତି ମିଳିଛି। ଅତିରିକ୍ତ ଜିଲା ଶିକ୍ଷା ଅଧିକାରୀ କେଶବ ମେହେରଙ୍କୁ ନବରଙ୍ଗପୁରକୁ ସ୍ଥାନାନ୍ତରିତ କରାଯାଇଛି।

# ରାଜେନ୍ଦ୍ର ବିଶ୍ୱବିଦ୍ୟାଳୟ ଜମି ଚିହ୍ନଟ ପ୍ରକ୍ରିୟା ଆରମ୍ଭ

ବଲାଙ୍ଗୀର,୧୦।୪(ବୀରେନ୍ଦ୍ର କୁମାର ଝାଙ୍କର)

ବଲାଙ୍ଗୀର ରାଜେନ୍ଦ୍ର ବିଶ୍ୱବିଦ୍ୟାଳୟର ଜମି ଚିହ୍ନଟ ପ୍ରକ୍ରିୟା ଗୁରୁବାରଠାରୁ ଆରମ୍ଭ ହୋଇଥିବା ଜଣାପଡିଛି। ମିଳିଥିବା ସୂଚନା ମୁତାବକ, ଜିଲା ପ୍ରଶାସନ ପକ୍ଷରୁ ଏକ ମିଳିତ ଟିମ୍ ବିଶ୍ୱବିଦ୍ୟାଳୟ ପରିସରରେ ପହଞ୍ଚି ଜମି ମ୍ୟାପ ନେଇ ତନାଘନା ଆରମ୍ଭ କରିଥିଲେ। ବଲାଙ୍ଗୀର ତହସିଲ ଅଫିସ ଏବଂ ମ୍ୟୁନିସିପାଲିଟିର କେତେଜଣ ଅମିନ ଓ ଅନ୍ୟ କର୍ମଚାରୀ ଗୁରୁବାର ଦିନବେଳା ବିଶ୍ୱବିଦ୍ୟାଳୟ ପରିସରରେ ପହଞ୍ଚିଥିଲେ। ବାସ୍ତବରେ ବିଶ୍ୱବିଦ୍ୟାଳୟ ଅଧୀନରେ କେତେ ଜମି ରହିଛି ଏବଂ କେତେ ଜମି ଜବରଦଖଲରେ ଅଛି ସେନେଇ ଯାଞ୍ଚ କରିବାକୁ ଏହି ଟିମ୍ ଯାଇଥିବା ଜଣାପଡିଛି। ବିଶ୍ୱବିଦ୍ୟାଳୟ ପରିସରରେ କିଛି ସମୟ ଧରି ଏହି ଟିମ୍ ସଦସ୍ୟମାନେ ଚିହ୍ନଟ କରିବାକୁ ଉଦ୍ୟମ କରିଥିଲେ। ବଲାଙ୍ଗୀର ରାଜେନ୍ଦ୍ର ବିଶ୍ୱବିଦ୍ୟାଳୟର ଜମି ଜବରଦଖଲ ପ୍ରସଙ୍ଗ ଦୀର୍ଘବର୍ଷ ହେଲା ଏକ ସମସ୍ୟା ଭାବେ ଉଭା ହୋଇଛି। ୧୯୪୪ ମସିହାରେ ରାଜେନ୍ଦ୍ର କଲେଜର ପ୍ରତିଷ୍ଠା ହୋଇଥିଲା। ସେତେବେଳେ କଲେଜ ପ୍ରତିଷ୍ଠାତା ତତ୍କାଳୀନ ମହାରାଜ ରାଜେନ୍ଦ୍ର ନାରାୟଣ ସିଂଦେଓ କଲେଜକୁ ପ୍ରାୟ ୨୫୦ ଏକର ଜମି ପ୍ରଦାନ କରିଥିବା କୁହାଯାଏ। ମାତ୍ର ଏ ସମ୍ପର୍କିତ କୌଣସି କାଗଜପତ୍ର କଲେଜ କିମ୍ବା ଜିଲା ପ୍ରଶାସନ ପାଖରେ ନାହିଁ। ଏହି କାଗଜପତ୍ର କିଏ ଗାଏବ କରିଛି ଜଣାପଡୁନାହିଁ। ରାଜେନ୍ଦ୍ର ବିଶ୍ୱବିଦ୍ୟାଳୟ ପାଖରେ ଜମି ସଂକ୍ରାନ୍ତୀୟ କାଗଜପତ୍ର ନ ଥିବା ନେଇ ବାରମ୍ବାର ଖବର ପ୍ରକାଶ ପାଇବା ପରେ ଗତ ୨୦୨୩ ମସିହାରେ ପ୍ରଶାସନ ପକ୍ଷରୁ ପ୍ରାୟ ୫୦ ଏକର ଜମିର କାଗଜପତ୍ର ବା ପଟ୍ଟା ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷଙ୍କୁ ଦିଆଯାଇଥିବା କୁହାଯାଇଥିଲା। ମାତ୍ର ଏପର୍ଯ୍ୟନ୍ତ ସେହି ପଟ୍ଟା ଦିଆଯାଇଥିବା ଜମିକୁ ଚିହ୍ନଟ କରାଯାଇନାହିଁ। ଏବେ ବି ଅନେକ ଜମିରେ ଜବରଦଖଲ ରହିଛି। କିଛିଦିନ ତଳେ ରାଜସ୍ୱ ବିଭାଗ ମନ୍ତ୍ରୀ ସୁରେଶ ପୂଜାରୀ ବଲାଙ୍ଗୀର ଗସ୍ତରେ ଆସିଥିବା ବେଳେ ଜିଲା ପ୍ରଶାସନକୁ ରାଜେନ୍ଦ୍ର ବିଶ୍ୱବିଦ୍ୟାଳୟର ଜମି ସମସ୍ୟା ତୁଟାଇବାକୁ କହି ଏପ୍ରିଲ ସୁଦ୍ଧା ଏହା ଶେଷ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ମନ୍ତ୍ରୀଙ୍କ ଏହି ନିର୍ଦ୍ଦେଶ ବଳରେ ଆଜି ପ୍ରଶାସନିକ ଟିମ୍ ଜମି ଚିହ୍ନଟ ଆରମ୍ଭ କରିଛି। ଚିହ୍ନଟ ପ୍ରକ୍ରିୟା ବେଳେ ବିଶ୍ୱବିଦ୍ୟାଳୟ କୁଳସଚିବ ହରପ୍ରସାଦ ଭୋଇ ଉପସ୍ଥିତ ଥିବା ଜଣାପଡିଛି।



ପ୍ରଶାସନିକ ଟିମ୍ ରାଜେନ୍ଦ୍ର ବିଶ୍ୱବିଦ୍ୟାଳୟର ଜମି ଚିହ୍ନଟ ପ୍ରକ୍ରିୟା ଆରମ୍ଭ କରିଛନ୍ତି।

# ଶ୍ରୀ ଶ୍ରୀ ଡଙ୍ଗର ବୁଢ଼ା ପୁଞ୍ଜି ପଥର ମେଳା ଆରମ୍ଭ

**ଜିଲା ପର୍ଯ୍ୟଟନ ଅଧିକାରୀ ଓ ବିଧାୟକ କଲେ ତଦାରଖ**

କଣ୍ଟାବାଞ୍ଜି,୧୦।୪(ଗୁରୁ ଦୟାଲ ହଂସ)

ବଲାଙ୍ଗୀର ଜିଲା କଣ୍ଟାବାଞ୍ଜି ବିଧାନସଭା ନିର୍ବାଚନମଣ୍ଡଳୀର ଅନ୍ୟ ଏକ ପ୍ରସିଦ୍ଧ ଶକ୍ତିପୀଠ ହେଉଛି ଶ୍ରୀ ଶ୍ରୀ ଡଙ୍ଗର ବୁଢ଼ା ପୁଞ୍ଜି ପଥର। ଏଠାରେ ଥିବା ପାହାଡ ଉପରେ ମାଆ ବନଦୁର୍ଗାଙ୍କ ଭବ୍ୟ ମନ୍ଦିର ରହିଛି। ପାହାଡର ପାଦ ଦେଶରେ ଡଙ୍ଗର ବୁଢ଼ା, ଶିବ ଲିଙ୍ଗ, ମାଆ ସନ୍ତୋଷି ଓ ଶ୍ରୀ ବଜରଙ୍ଗ ବଳିଙ୍କ ମନ୍ଦିର ରହିଛି। ଏହାସହ ପ୍ରହରୀ ମଣ୍ଡପ, ଭୋଗ ମଣ୍ଡପ, ରୋଷେଇଶାଳା ଓ ନବନିର୍ମିତ ଇକୋ ପାର୍କ ରହିଛି। ପ୍ରତ୍ୟେକ ବର୍ଷ ରାମନବମୀ ବେଳେ ଏହି ପୀଠରେ ସାତ ଦିନ ଧରି ଯାତ୍ରା ହୁଏ। ଚଳିତବର୍ଷ ଏପ୍ରିଲ ୭ରୁ ଆରମ୍ଭ ହୋଇଥିବା ଏହି ଯାତ୍ରା ୧୨ତାରିଖ ଦିନ ଉଦ୍‌ଯାପନ ହେବ। ମେଳା ସମୟରେ ନାମ ସଙ୍କୀର୍ତ୍ତନ ହୋଇଥାଏ। ଏହାକୁ ଦେଖିବା ପାଇଁ ପ୍ରତିଦିନ ବହୁ ଶ୍ରଦ୍ଧାଳୁଙ୍କ ସମାଗମ ହୁଏ। ଦୀର୍ଘ ବର୍ଷ ଧରି ଏଠାରେ ମେଳା ହୋଇ ଆସୁଥିଲେ ମଧ୍ୟ ଏହି ପୀଠର ବିକାଶ ହୋଇ ପାରିନାହିଁ। ଚଳିତବର୍ଷ ଶ୍ରୀ ଡଙ୍ଗର ବୁଢ଼ା ପୁଞ୍ଜି ପଥର ପୂଜା କମିଟି ସଦସ୍ୟ ଓ ବିଧାୟକ ଲକ୍ଷ୍ମଣ ବାଗ ଏହାକୁ ପର୍ଯ୍ୟଟନସ୍ଥଳୀର ମାନ୍ୟତା ଦେବା ପାଇଁ ଅଣ୍ଟା ଭିଡିଛନ୍ତି। ନିକଟରେ ବିଧାୟକ ବାଗ, ଜିଲା ପର୍ଯ୍ୟଟନ ଅଧିକାରୀ ରଶ୍ମିରଞ୍ଜନ ମିଶ୍ର, ତୁରେକେଲା ବ୍ଲକ ପ୍ରଶାସନିକ ଅଧିକାରୀ ଓ ପର୍ଯ୍ୟଟନ ବିଭାଗର କର୍ମଚାରୀମାନେ ପୁଞ୍ଜିପଥର ମନ୍ଦିର ବୁଲି ଦେଖିବା ସହ ଭିତ୍ତିଭୂମି ପରଖି ଥିଲେ। ଫଳରେ ଶ୍ରୀ ଡଙ୍ଗର ବୁଢ଼ା ପୁଞ୍ଜି ପଥର ମନ୍ଦିର ଏକ ପର୍ଯ୍ୟଟନ ସ୍ଥଳୀର ମାନ୍ୟତା ପାଇବ ବୋଲି ଲୋକଙ୍କ ମଧ୍ୟରେ ଆଶା ସଞ୍ଚାର ହୋଇଛି।

# ଉପମୁଖ୍ୟମନ୍ତ୍ରୀଙ୍କୁ ଆବେଦନପତ୍ର



ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂଦେଓଙ୍କ ସହ ଦଳୀୟ କର୍ମୀ ଓ ଅନ୍ୟମାନେ।

ଲାଠୋର,୧୦।୪(ଭୁବନେଶ୍ୱର ବାରିକ)

ବୁଧବାର ସନ୍ଧ୍ୟାରେ ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂଦେଓ ଖପ୍ରାଖୋଲ ବ୍ଲକ ଲାଠୋର ଗ୍ରାମ ଗସ୍ତରେ ଆସିଥିଲେ। ତାଙ୍କ ସହ ପାଟଣାଗଡ ଏସଡିପିଓ ସଦାନନ୍ଦ ପୂଝାରୀ ଓ ଖପ୍ରାଖୋଲ ବିଡ଼ିଓ ବିବେକାନନ୍ଦ ଷଡ଼ଙ୍ଗୀ ଥିଲେ। ଲାଠୋର ଗ୍ରାମର ସାବାସ ସଂଗଠନ ସାମାଜିକ ସମାନତା,ଶିକ୍ଷାର ବିକାଶ ଏବଂ ମହିଳାଙ୍କ ସହ ବିଭିନ୍ନ କ୍ଷେତ୍ରରେ ସଶକ୍ତୀକରଣକୁ ପ୍ରୋତ୍ସାହିତ କରିବା ପାଇଁ କାର୍ଯ୍ୟ କରୁଛି। ହେଲେ ସ୍ଥାନ ଅଭାବ ଯୋଗୁ ବିଭିନ୍ନ କାର୍ଯ୍ୟକ୍ରମ ପାଇଁ ସମସ୍ୟା ସୃଷ୍ଟି ହେଉଛି। ଏହାକୁ ଦୃଷ୍ଟିରେ ରଖି ଉପ ମୁଖ୍ୟମନ୍ତ୍ରୀ ସିଂଦେଓଙ୍କୁ ଲାଠୋର ଗସ୍ତ କାଳରେ ସଂଗଠନର ସଭାପତି ଲାଏବାନ ସୁନାଙ୍କ ନେତୃତ୍ୱରେ ସଦସ୍ୟମାନେ ଗ୍ରାମରେ ଏକ ଆମ୍ବେଡକର ଭବନ ନିର୍ମାଣ କରିବା ଦାବି ନେଇ ଏକ ଆବେଦନ ପତ୍ର ପ୍ରଦାନ କରିଥିଲେ। ଏହି ଅବସରରେ ଉପ ମୁଖ୍ୟମନ୍ତ୍ରୀ ସିଂଦେଓ ସ୍ଥାନୀୟ ଲୋକଙ୍କ ଆପତ୍ତି ଅଭିଯୋଗ ଶୁଣିଥିଲେ । ପରେ ଗ୍ରାମର ଇଷ୍ଟଦେବୀ ମା' ବସ୍ରେନ ଗୁଡ଼ିକୁ ଯାଇ ଆଶୀର୍ବାଦ ଲାଭ କରିଥିଲେ। ଏହି ଅବସରରେ ଘାସିରାମ ଅଗ୍ରୱାଲ, ପ୍ରଭୁଦା ପାଣିଗ୍ରାହୀ, ନୋମିନୀ ପଦ୍ମସିଂ ବରିହା, ଏମପି ନୋମିନୀ ସନ୍ତୋଷ ଭଇଁସାଲ, ପୂର୍ବତନ ସରପଞ୍ଚ ପ୍ରବୀଣ ଅଗ୍ରୱାଲ, କାଶୀନାଥ ମେହେର, ଦଶରଥ ପାଣିଗ୍ରାହୀ, ଜିତେନ୍ଦ୍ର ମେହେର, କିଶୋର ଶର୍ମାଙ୍କ ସହ ବହୁ ଦଳୀୟ କର୍ମୀ ଉପସ୍ଥିତ ଥିଲେ ।

# ରୋତ କଲେଜରେ ଓଡ଼ିଆ ପକ୍ଷ ପାଳିତ

ଲୋଇସିଂହା,୧୦।୪(ସୁଶାନ୍ତ ବାରିକ)

ବୁଧବାର ବଲାଙ୍ଗୀର ଜିଲା ଆଗଲପୁର ବ୍ଲକ ରୋତ କଲେଜରେ ଓଡ଼ିଆ ପକ୍ଷ ପାଳିତ ହୋଇଯାଇଛି। ଏହି ଅବସରରେ ଆସ ବହିଟିଏ କିଣିବା ଓ ଲେଖକ ସମ୍ମିଳନୀ ଅନୁଷ୍ଠିତ ହୋଇଥିଲା। ଏହାକୁ କଲେଜ ଅଧ୍ୟକ୍ଷ ପ୍ରଦୀପ କୁମାର ଷଡଙ୍ଗୀ ଉଦ୍‌ଘାଟନ କରିଥିଲେ। ଛାତ୍ରୀଛାତ୍ରମାନଙ୍କ ମନରେ ପୁସ୍ତକ କ୍ରୟ ଓ ପଠନ କରିବାର ଆଗ୍ରହ ବୃଦ୍ଧି ମୁଖ୍ୟ ଉଦ୍ଦେଶ୍ୟ ବୋଲି ସେ କହିଥିଲେ। ଏକ ଷ୍ଟଲ ଖୋଲି ଓଡ଼ିଆ ଭାଷା, ସାହିତ୍ୟ, ସଂସ୍କୃତି, ଐତିହ୍ୟ, ବରପୁତ୍ରମାନଙ୍କର ଜୀବନୀ, ପର୍ଯ୍ୟଟନସ୍ଥଳୀ, ପର୍ବପର୍ବାଣୀ, ଆଧ୍ୟାତ୍ମିକତା ଆଦି ପୁସ୍ତକ ବିକ୍ରି କରାଯାଇଥିଲା। ଏହି ଅବସରରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା । ପ୍ରବନ୍ଧରେ ବିରେନ୍ଦ୍ର ପ୍ରତାପ ତ୍ରିପାଠୀ, ସୁକେଶ ପଟେଲ, ଦୀପା ପଟେଲ, ଗଳ୍ପଲିଖନରେ ବିରେନ୍ଦ୍ର ପ୍ରତାପ ତ୍ରିପାଠୀ, ମନୋଜ ଭୋଇ, ଦୀପା ପଟେଲ ଓ କବିତା ଲିଖନରେ ସାଗରିକା ପୋଢ, ବିରେନ୍ଦ୍ର ପ୍ରତାପ ତ୍ରିପାଠୀ, ସୁକେଶ ପଟେଲ ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅଧିକାର କରି ଜିଲାସ୍ତରୀୟ ଯୁବ ଲେଖକ ସମ୍ମିଳନୀରେ ଅଂଶଗ୍ରହଣ କରିବାକୁ ମନୋନୀତ ହୋଇଛନ୍ତି।

# ୭ ଲକ୍ଷ ଟଙ୍କା ଦାବି କରି ସ୍ତ୍ରୀଙ୍କୁ ନିର୍ଯାତନା

**ନ୍ୟାୟ ଦାବିରେ ଥାନାର ଦ୍ୱାରସ୍ଥ ପୀଡିତା**

ଲୋଇସିଂହା,୧୦।୪(ସୁଶାନ୍ତ ବାରିକ)

ବାପ ଘରୁ ଆଉ ୭ ଲକ୍ଷ ଟଙ୍କା ଆଣିବୁ ନ ହେଲେ ତୋତେ ଆଉ ରଖିବି ନାହିଁ। ଏପରି କହି ସ୍ତ୍ରୀଙ୍କୁ ଅଶ୍ଳୀଳ ଭାଷାରେ ଗାଳିଗୁଲଜ କରି ଜୀବନରେ ମାରି ଦେବାକୁ ଉଦ୍ୟମ କରିଥିବା ନେଇ ବଲାଙ୍ଗୀର ସଦର ଥାନାରେ ଅଭିଯୋଗ ହୋଇଛି। ପୀଡିତା ଜଣକ ହେଲେ ବଲାଙ୍ଗୀର ସଦର ଥାନା ତଥା ଲୋଇସିଂହା ବ୍ଲକ ଘୁଙ୍ଗି ଗ୍ରାମର ସୁଷମା ଭୁକ୍ତା (୨୫)। ସେ ଏପରି ଅଭିଯୋଗ ଆଣି ବୁଧବାର ଥାନାର ଦ୍ୱାରସ୍ଥ ହୋଇ ନ୍ୟାୟ ଭିକ୍ଷା କରିଛନ୍ତି। ଅଭିଯୋଗରୁ ପ୍ରକାଶ ଯେ, ଲୋଇସିଂହା ବ୍ଲକ କୁଶମେଲ ପଞ୍ଚାୟତ ଘୁଙ୍ଗି ଗ୍ରାମର ସ୍ୱର୍ଗତ ଉପେନ୍ଦ୍ର ଭୁକ୍ତାଙ୍କ ଝିଅ ହେଉଛନ୍ତି ସୁଷମା। ୨ବର୍ଷ ତଳେ ସେ ସୁବର୍ଣ୍ଣପୁର ଜିଲା ଡୁଙ୍ଗରିପାଲି ଥାନା ସୋହେଲା ଗ୍ରାମର ରିଙ୍କୁ ନାଏକଙ୍କୁ ବୈଦିକ ରୀତିରେ ବିବାହ କରିଥିଲେ। ଲୋୟର ସୁକତେଲ ବିସ୍ଥାପିତ ସହାୟତା ଟଙ୍କା ମିଳିଥିବାରୁ ବିବାହ ସମୟରେ ବାପ ଘର ଲୋକେ ଯାନିଯୌତୁକ ସହ ନଗଦ ୩ ଲକ୍ଷ ଟଙ୍କା ଦେଇଥିଲେ। ଯୌତୁକ ବାବଦକୁ ଦିଆଯାଇଥିବା ଟଙ୍କାକୁ ଖର୍ଚ୍ଚ କରି ସାରିଲା ପରେ ଏବେ ଆହୁରି ୭ ଲକ୍ଷ ଟଙ୍କା ବାପ ଘରୁ ଆଣିବାକୁ ସୁଷମାଙ୍କ ଉପରେ ଚାପ ପକାଯାଉଛି । ଏ ସମ୍ପର୍କରେ ସୁଷମା ବାପଘର ଲୋକଙ୍କୁ ଜଣାଇଥିଲେ ମଧ୍ୟ ବିଭିନ୍ନ କାରଣରୁ ସେମାନେ ଦେବାକୁ ସମର୍ଥ ନ ହେବାରୁ ସୁଷମାଙ୍କୁ ତାଙ୍କ ସ୍ୱାମୀ ଶାରୀରିକ ତଥା ମାନସିକ ନିର୍ଯ୍ୟାତନା ଦେଇ ଆସୁଛନ୍ତି ବୋଲି ଅଭିଯୋଗରେ ଦର୍ଶାଯାଇଛି। ଏପରି କି ଗତ ୪ ତାରିଖ ସନ୍ଧ୍ୟାରେ ତାଙ୍କ ସ୍ୱାମୀ ଜୀବନରେ ମାରି ଦେବାକୁ ଉଦ୍ୟମ କରିଥିବା ବେଳେ ସେ କୌଶଳକ୍ରମେ ଖସି ଆସିଥିଲେ ବୋଲି ସୁଷମା କହିଛନ୍ତି। ଖବର ପାଇ ପରଦିନ ତାଙ୍କ ବଡଭଉଣୀ ଏବଂ ଭିଣେଇ ରିଙ୍କୁଙ୍କ ଘରକୁ ଯାଇଥିବା ବେଳେ ସେମାନଙ୍କୁ ମଧ୍ୟ ଦୁର୍ବ୍ୟବହାର ପ୍ରଦର୍ଶନ କରାଯାଇଥିବା ଅଭିଯୋଗରେ ଦର୍ଶାଇଛନ୍ତି। ଶେଷରେ ସେ ଭଉଣୀ ଭିଣୋଇଙ୍କ ସହ ଘୁଙ୍ଗି ଗ୍ରାମକୁ ଚାଲି ଆସି ଥାନାର ଦ୍ୱାରସ୍ଥ ହୋଇଛନ୍ତି । ସୁଷମାଙ୍କର ଏକ ଦେଢବର୍ଷର ଶିଶୁପୁତ୍ର ଅଛି।

# ବିସ୍ଥାପିତଙ୍କ ସମସ୍ୟା ସମାଧାନ ହେଉ

**ବନଦୁର୍ଗା ମହୋତ୍ସବର ତୃତୀୟ ସନ୍ଧ୍ୟା**

ବଲାଙ୍ଗୀର,୧୦।୪(ବୀରେନ୍ଦ୍ର କୁମାର ଝାଙ୍କର)

ବଲାଙ୍ଗୀର ଜିଲା ମାଗୁରବେଡାସ୍ଥିତ ଲୋୟର ସୁକ୍‌ତେଲ ଡ୍ୟାମ୍ ତଳେ ଆୟୋଜିତ ବନଦୁର୍ଗା ମହୋତ୍ସବର ତୃତୀୟ ସନ୍ଧ୍ୟାରେ ମଞ୍ଚାସୀନ ଅତିଥିମାନେ ବିସ୍ଥାପିତଙ୍କ ସମସ୍ୟା ସମାଧାନ ଉପରେ ଗୁରୁତ୍ୱ ଆରୋପ କରିଛନ୍ତି । ଆୟୋଜକ କମିଟି ସଭାପତି ସଞ୍ଜୟ ଗଡତ୍ୟାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବେ ପରିବେଶବିତ୍ ପ୍ରଫୁଲ୍ଲ ସାମନ୍ତରା, ସମ୍ମାନିତ ଅତିଥି ଭାବେ ଜିଲା ଓକିଲ ସଂଘ ସଭାପତି ବାସୁଦେବ ରଥ, ଚାଷୀନେତା ସରୋଜ, ସାମାଜିକ କର୍ମୀ ତ୍ରିଲୋଚନ ପୁଞ୍ଜି, ଲୋୟର ସୁକ୍‌ତେଲ ବୁଡିଅଞ୍ଚଳ ସଂଗ୍ରାମ ପରିଷଦ ସମ୍ପାଦକ ସତ୍ୟ ବନ୍‌ଛୋର ମଞ୍ଚାସୀନ ହୋଇଥିଲେ। ମୁଖ୍ୟଅତିଥି ସାମନ୍ତରା ତାଙ୍କ ବକ୍ତବ୍ୟରେ କହିଥିଲେ, ଅତୀତରେ ଲୋୟର ସୁକ୍‌ତେଲ ଅଞ୍ଚଳ ନଦୀ, ନାଳ, ବଣ, ଜଙ୍ଗଲ ଏବଂ କୃଷିଜାତ ପଦାର୍ଥରେ ସମୃଦ୍ଧ ଥିଲା। ସୁକ୍‌ତେଲ ଡ୍ୟାମ୍ ପରେ ସେମାନେ ବିସ୍ଥାପିତ ହୋଇଛନ୍ତି। ସେମାନେ ଏବେ ଘୋର ସମସ୍ୟା ଦେଇ ଗତି କରୁଛନ୍ତି। ଯେଉଁଭଳି ଭାବେ ଡ୍ୟାମ ନିର୍ମାଣକୁ ଜୋର ଦିଆଗଲା, ସେଭଳି ଭାବେ ବିସ୍ଥାପିତଙ୍କ ସମସ୍ୟାର ସମାଧାନ କରାଯାଇନାହିଁ। ଆଗକୁ ମିଳିତ ଭାବେ ସମସ୍ତେ ବିସ୍ଥାପିତଙ୍କ ସମସ୍ୟା ସମାଧାନ ଉପରେ ଜୋର ଦିଅନ୍ତୁ ବୋଲି ସେ କହିଥିଲେ। ସମ୍ମାନିତ ଅତିଥି ଚାଷୀନେତା ସରୋଜ ତାଙ୍କ ବକ୍ତବ୍ୟରେ ଡ୍ୟାମ ପାଇଁ ଆନ୍ଦୋଳନ କରୁଥିବା ଲୋକେ ଆଜି କାହିଁକି ବିସ୍ଥାପିତଙ୍କ ସମସ୍ୟାର ସମାଧାନ ପାଇଁ ଆନ୍ଦୋଳନ କରୁନାହାନ୍ତି ବୋଲି ପ୍ରଶ୍ନ କରିଥିଲେ। ବନଦୁର୍ଗା ମହୋତ୍ସବ ସେହି ଲୋକଙ୍କ ବିବେକ ଜାଗ୍ରତ କରୁ ବୋଲି ସେ କହିଥିଲେ। ସମ୍ମାନିତ ଅତିଥି ପୁଞ୍ଜି ତାଙ୍କ ବକ୍ତବ୍ୟରେ ଲୋୟର ସୁକ୍‌ତେଲ ଅଞ୍ଚଳରେ ବନଦୁର୍ଗା ସ୍ଥାପନ ଓ ଆନ୍ଦୋଳନ ସୂତ୍ରପାତର କଥା ବର୍ଣ୍ଣନା କରିଥିଲେ। ଓକିଲ ସଂଘ ସଭାପତି ରଥ ତାଙ୍କ ବକ୍ତବ୍ୟରେ ବିସ୍ଥାପିତଙ୍କ ସମସ୍ୟା ସମାଧାନ ପାଇଁ ଓକିଲ ସଂଘ ନ୍ୟାୟିକ ଦିଗରେ ଆଗେଇ ଆସିବ ବୋଲି କହିଥିଲେ। ସଭାରେ ସଂଗ୍ରାମ ପରିଷଦ ସଭାପତି ଘୁନୁ ସାହୁ ଏବଂ ଆବାହକ ଉଦୟ ସିଂ ଠାକୁରଙ୍କୁ ସଂଗ୍ରାମୀ ସମ୍ମାନ ପ୍ରଦାନ କରାଯାଇଥିଲା । ବିକାଶ ରଞ୍ଜନ ରଥ ସଭା ସଂଯୋଜନା କରିଥିଲେ। ସମ୍ପାଦକ ଜୟକୃଷ୍ଣ ମିଶ୍ର ସାଂସ୍କୃତିକ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ । ସଭା ପରେ ଓଡିଶା ସରକାରଙ୍କ ସହାୟତାରେ ଓ ସିଦ୍ଧାଶ୍ରମ ସେବା ପ୍ରତିଷ୍ଠାନର ମିଳିତ ଆନୁକୂଲ୍ୟରେ ଏଠାରେ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା ।



ବନଦୁର୍ଗା ମହୋତ୍ସବର ତୃତୀୟ ସନ୍ଧ୍ୟା ସଭାରେ ମଞ୍ଚାସୀନ ଅତିଥି ।

## ଶିବିରରେ ୧୫ ୟୁନିଟ ରକ୍ତ ସଂଗ୍ରହ

ବୌଦ୍ଧ,( ଅଜିତ କୁମାର ବାରିକ): ବୌଦ୍ଧ ପଞ୍ଚାୟତ ମହାବିଦ୍ୟାଳୟର ଯୁବ ରେଡକ୍ରସ ପକ୍ଷରୁ ଏକ ରକ୍ତଦାନ ଶିବିର ଗୁରୁବାର ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥିଭାବେ ମହାବିଦ୍ୟାଳୟର ଅଧକ୍ଷ ନିରଞ୍ଜନ ମିଶ୍ର ଯୋଗଦେଇ ଶିବିରକୁ ଉଦ୍‌ଘାଟନ କରିଥିଲେ। ସମ୍ମାନିତ ଅତିଥିଭାବେ ଅଧାପକ ପ୍ରବୀର କୁମାର ଦାସ ଯୋଗଦେଇ ରକ୍ତଦାତାଙ୍କୁ ଉତ୍ସାହିତ କରିଥିଲେ। ଅଧାପିକା, ଅଧାପକଙ୍କ ସହ ଯୁବ ରେଡକ୍ରସ ଓ ଏନଏନଏସର ସ୍ୱେଚ୍ଛାସେବୀମାନେ ରକ୍ତ ଦାନ କରିଥିଲେ। ସମୁଦାୟ ୧୫ ୟୁନିଟ ରକ୍ତ ସଂଗ୍ରହ ହୋଇଥିଲା। ଶିବିରକୁ ଯୁବ ରେଡକ୍ରସର ପରାମର୍ଶଦାତା ତ୍ରିନାଥ ରଣା, ଏନଏନଏସର ଅଧିକାରୀ ସୁରଜ କୁମାର ନାଏକ ପରିଚାଳନା କରିଥିଲେ। ଡାକ୍ତର ବିକେଆରସି ହେମ୍ବ୍ରମ, ଟେକସିଆନ ଦେବବ୍ରତ କିଶାନ, ଯୁବା ଶବର, ଗୁରୁସ୍ୱରା ସାହୁ, ପ୍ଲାବନି ପରଡିଆ, ସୁରଜ ଭୋକ୍ତା, ପ୍ରମୋଦ ମହାପାତ୍ର ରକ୍ତ ସଂଗ୍ରହ କରିଥିଲେ।

## ସଂକ୍ଷେପରେ

### ଗଞ୍ଜେଇ ଜବତ ମାମଲା: ୩ କୋର୍ଟ ଚାଲାଣ

ବୌଦ୍ଧ,ବାଉଁଶୁଣୀ,୧୦।୪(ଅଜିତ କୁମାର ବାରିକ/ଦେବାଶିଷ ନେପାକ)

ବୌଦ୍ଧ ଜିଲା ବାଉଁଶୁଣୀ ନିକଟରୁ ବୁଧବାର ଏକ ତରଭୁଜ ବୋଝେଇ ଟ୍ରକରୁ ୧୪୦ କେଜି ଗଞ୍ଜେଇ ଜବତ ମାମଲାରେ ଜଣେ ହୋମ ଗାର୍ଡଙ୍କ ସହ ଅନ୍ୟ ୨ ଅଭିଯୁକ୍ତଙ୍କୁ ଗୁରୁବାର କୋର୍ଟ ଚାଲାଣ କରାଯାଇଛି। ଅଭିଯୁକ୍ତମାନେ ହେଲେ ମନମୁଣ୍ଡା ଥାନା ପରିବନ୍ଧ ଗ୍ରାମର ଦଇତାରୀ ମହାକୁଡ଼, ରଞ୍ଜିତ କର୍ମୀ ଓ ମନମୁଣ୍ଡା ଥାନାର ହୋମଗାର୍ଡ ତଥା ପୋଲିସ ଗାଡି ଡ୍ରାଇଭର ସମାରୁ ସେଠୀ। ଏନେଇ ବାଉଁଶୁଣୀ ଥାନା ପରିସରରେ ଉପଖଣ୍ଡ ପୋଲିସ ଅଧିକାରୀ ଲରେନ ରାଉତ ରାୟ ଏକ ଖବରଦାତା ସମ୍ମିଳନୀ କରି ସୂଚନା ପ୍ରଦାନ କରିଛନ୍ତି। ମିଳିଥିବା ସୂଚନା ଅନୁଯାୟୀ, ମନମୁଣ୍ଡା ପଟୁ ଏକ ତରଭୁଜ ବୋଝେଇ ଟ୍ରକ ବୌଦ୍ଧ ପଟକୁ ଯାଉଥିବା ବେଳେ ବାଉଁଶୁଣୀ ପୋଲିସର ଏକ ଟିମ ଜାତୀୟ ରାଜପଥ ନଂ. ୫୭ର ବାଉଁଶୁଣୀ ବାଘ ନଦୀ ପୋଲ ନିକଟରେ ଟ୍ରକକୁ ଅଟକାଇ ଯାଞ୍ଚ କରି ୧୪୦ କେଜି ଗଞ୍ଜେଇ ଜବତ କରିଥିଲେ। ଏନେଇ ପୋଲିସ ଏକ ମାମଲା ନଂ.୭୦/୨୫ରେ ରୁଜୁ କରିଥିଲା। ଏଠାରେ ଉଲ୍ଲେଖଯୋଗ୍ୟ ଯେ, ଗତ ୨୫ ତାରିଖରେ ଗଞ୍ଜେଇ ଚୋରାଚାଲାଣରେ ବୌଦ୍ଧ ଆଇଆରବିର ୩ ଜଣ ଯବାନ ଗିରଫ ହେବା ସହ କୋର୍ଟ ଚାଲାଣ ହୋଇଥିଲେ।

### ଓର୍ଲେ ରାମଲୀଳା: ଭରତ ମିଳନ

ବିନିକା, ୧୦।୪ (ରାମ ଗୋପାଳ ବାଘ)

ସୁବର୍ଣ୍ଣପୁର ଜିଲା ବିନିକା ସହରାଞ୍ଚଳ ୱାର୍ଡ ନଂ. ୧୦ଓର୍ଲେ ରଘୁନାଥ ମନ୍ଦିର ପ୍ରାଙ୍ଗଣରେ ଚାଲିଥିବା ଚାଲିଥିବା ରାମଲୀଳା ମହୋତ୍ସବର ଗୁରୁବାର ଥିଲଶ ପଞ୍ଚମ ସନ୍ଧ୍ୟା। ଏହି ଦିନ ଭରତ ମିଳନ ନାଟକ ପରିବେଷଣ ହୋଇଥିଲା। ଭରତ ଭୂମିକାରେ କାହ୍ନା ହୋତା, ଭାରଦ୍ୱାଜ ପ୍ରମୋଦ ପଣ୍ଡା, ବଶିଷ୍ଟ ସର୍ବେଶ୍ୱର ପୁରୋହିତଙ୍କ ଅଭିନୟ ଦର୍ଶକଙ୍କ ମନକୁ ଛୁଇଁଥିଲା। ମହୋତ୍ସବ ଦେଖିବା ସହିତ ପ୍ରଭୁ ରଘୁନାଥ ଠାକୁରଙ୍କ ଦର୍ଶନ ପାଇଁ ଶ୍ରଦ୍ଧାଳୁଙ୍କ ଭିଡ଼ ଦେଖିବାକୁ ଦେଖିବାକୁ ମିଳିଥିଲା।

### ସଡକ ଦୁର୍ଘଟଣାରେ ପରିବା ଚାଷୀଙ୍କ ମୃତ୍ୟୁ

ଢୁଙ୍ଗୁରିପାଲି, ୧୦।୪(ଦୀନବନ୍ଧୁ ସୁନା)

ସୁବର୍ଣ୍ଣପୁର ଜିଲା ଢୁଙ୍ଗୁରିପାଲି ଏଫସିଆଇ ପେଟ୍ରୋଲ ପମ୍ପ ସମ୍ମୁଖରେ ଗୁରୁବାର ପୂର୍ବାହ୍ନ ୧୧ଟାରେ କାର ଧକ୍କାରେ ଜଣେ ବାଇକ ଆରୋହୀ ପରିବା ଚାଷୀଙ୍କ ମୃତ୍ୟୁ ଘଟିଛି। ମୃତ ହେଲେ ବରଗଡ ଜିଲା ବରପାଲି ଥାନା ବାନ୍ଧୁମୁଣ୍ଡା ଗ୍ରାମର ହୀରାଧର ସା (୫୭)। ସେ ସାପ୍ତାହିକ ଗୁରୁବାର ବଜାରକୁ ପରିବା ବିକ୍ରି କରିବାକୁ ଆସି ଫେରିବା ଏକ ଇନୋଭା କାର ତାଙ୍କୁ ପଛପଟୁ ଧକ୍କା ଦେଇଥିଲା। ହୀରାଧରକୁ ଢୁଙ୍ଗୁରିପାଲି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ହେଲେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପୋଲିସ ବିନିକାରେ ବ୍ୟବଚ୍ଛେଦ ପରେ ମୃତଦେହ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛି । ଅନ୍ୟପକ୍ଷେ ଦୁର୍ଘଟଣାସ୍ଥଳରୁ କାର ଡ୍ରାଇଭର ଫେରାର ମାରୁଥିବା ବେଳେ ପୋଲିସ ଚିନାପୁରୀରୁ କାରକୁ ଜବତ କରିଛି। ଡ୍ରାଇଭର ଫେରାର ଥିବା ଏଏସଆଇ ମୋହନ ବରିହା କହିଛନ୍ତି।

# ବିଲୁପ୍ତ ଲୋକକଳା ବଞ୍ଚାଇବାକୁ ପ୍ରୟାସ

ବୀରମହାରାଜପୁର,୧୦।୪(ଯୁଗଳ କିଶୋର ମିଶ୍ର)


ଲୋକ କଳା ପାଇଁ ଦିନଟିଏ କାର୍ଯ୍ୟକ୍ରମରେ ସାଂସ୍କୃତିକ କାର୍ଯ୍ୟକ୍ରମ।

**ଲୋକକଳା ପାଇଁ ଦିନଟିଏ କାର୍ଯ୍ୟକ୍ରମ**

ଓଡ଼ିଆ ପକ୍ଷ ପାଳନ ଅବସରରେ ବୀରମହାରାଜପୁରଠାରେ ଲୋକକଳା ପାଇଁ ଦିନଟିଏ ଉତ୍ସର୍ଗୀକୃତ ହୋଇଛି। ଓଡ଼ିଆ ପକ୍ଷ ପାଳନକୁ ନେଇ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଗୁରୁବାର ପୂର୍ବାହ୍ନ ୧୧ଟାରେ ଆରମ୍ଭ ହୋଇଥିଲା ବୀରମହାରାଜପୁର ପଞ୍ଚାୟତ ସମିତି କାର୍ଯ୍ୟାଳୟରେ। ଗୋଷ୍ଠୀ ଉନ୍ନୟନ ଅଧିକାରୀ ରାଜୀବ ହାଁସଦାଙ୍କ ଅଧ୍ୟକ୍ଷତାରେ ହୋଇଥିବା ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥିଭାବେ ବ୍ଲକ ଉପାଧକ୍ଷ ନାରାୟଣ ଲୁହା, ମୁଖ୍ୟବକ୍ତାଭାବେ ରାଜ୍ୟପାଳ ପୁରସ୍କାରପ୍ରାପ୍ତ ଶିକ୍ଷକ ଭୂଷଣ କୁମାର ପାତ୍ର, ସମ୍ମାନିତ ଅତିଥିଭାବେ ଲୁଡୁରପଙ୍କ ସରପଞ୍ଚ ସୂର୍ଯ୍ୟ କୁମାର ନନ୍ଦ, ବିଧାୟକ ପ୍ରତିନିଧି ପଦାର୍ଥ ଜଗଦଲା, ସେକ୍ସନ ଅଫିସର ଜଗଜିତ ନାଏକ, ଚମ୍ପାମାଳ ସମିତି ସଭ୍ୟ ଲକ୍ଷ୍ମୀ ନାରାୟଣ ପୁରୋହିତ ଯୋଗଦେଇ ସରକାର ଲୋକକଳା ପାଇଁ ଦିନଟିଏ କରି ବିଲୁପ୍ତ ଲୋକକଳାକୁ ପୁନର୍ଜୀବିତ କରିବାପାଇଁ ଏକ ନିଆରା ପରମ୍ପରା ସୃଷ୍ଟି କରିଛନ୍ତି ବୋଲି କହିଥିଲେ। ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ ଅତିରିକ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ ପୁରୁଷୋତ୍ତମ ଧରୁଆ, କାର୍ଯ୍ୟକ୍ରମ ସଂଯୋଜନା ବ୍ଲକ କଳା ସଂସ୍କୃତି ସଂଘ ଉପସଭାପତି ରାମକୃଷ୍ଣ ହୋତା ଓ ଧନ୍ୟବାଦ ଅର୍ପଣ କରିଥିଲେ ବ୍ଲକ ସମାଜିକ ସୁରକ୍ଷା ଅଧିକାରୀ ଅଞ୍ଜୁଲତା ମିଶ୍ର। ପରେ ପତର ସଉରା ପତର ସଉରାଣୀ ଦଣ୍ଡ ସୁଆଙ୍ଗ ପରିବେଶିତ ହୋଇଥିଲା। ଶେଷରେ ବରିଷ୍ଠ କଳାକାର ମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

# ଲୋକକଳା ପାଇଁ ଦିନଟିଏ କାର୍ଯ୍ୟକ୍ରମ

ବଘିଆପଡା,୧୦।୪(ଶ୍ରୀକାନ୍ତ ସାହୁ)



ସମ୍ବର୍ଦ୍ଧିତ କଳାକାର ଓ ଅନ୍ୟମାନେ।

ବୌଦ୍ଧ ବ୍ଲକ ନାରାୟଣନଗର ସ୍ଥିତ ଲକ୍ଷ୍ମୀପ୍ରସାଦ ଗ୍ରାମ ପଞ୍ଚାୟତ କାର୍ଯ୍ୟାଳୟଠାରେ ଓଡ଼ିଆ ପକ୍ଷ ପାଳନ ଅବସରରେ ଜିଲ୍ଲା ପ୍ରଶାସନ ଏବଂ ବୌଦ୍ଧ ପଞ୍ଚାୟତ ସମିତିର ମିଳିତ ଆନୁକୂଲ୍ୟରେ ଲୋକକଳା ପାଇଁ ଦିନଟିଏ କାର୍ଯ୍ୟକ୍ରମ ଅବସରରେ ବରିଷ୍ଠ କଳାକାରଙ୍କୁ ସମ୍ବର୍ଦ୍ଧିତ ଏବଂ କଳାଗ୍ରାମ ପରିଦର୍ଶନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଅତିରିକ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ ସୁଦାମ ଚରଣ ସାମଲଙ୍କ ଅଧକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଜିଲା ସଂସ୍କୃତି ଅଧିକାରୀ ଅକ୍ରୁର କୁମାର ଜାନୀ ଏହି ପକ୍ଷର ଆଭିମୁଖ୍ୟ ବିଷୟରେ ଏବଂ ୧୪ ଦିନର ସମସ୍ତ କାର୍ଯ୍ୟକ୍ରମ ବିଷୟରେ ସବିଶେଷ ବିବରଣୀ ପ୍ରଦାନ କରିଥିଲେ। ଜିଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ରିତାକାନ୍ତି ବଳିୟାର ସିଂହ ସ୍ୱାଗତ ଭାଷଣ ସହ ଅତିଥି ପରିଚୟ ପ୍ରଦାନ କରିଥିଲେ। କାର୍ଯ୍ୟ ନିର୍ବାହୀ ସହାୟକ ଦିଲ୍ଲୀପ କୁମାର ରଥ, ପୂର୍ବତନ ବ୍ଲକ ଉପାଧକ୍ଷ ମନୋରଞ୍ଜନ ପୁରୋହିତ, ପୂର୍ବତନ ସରପଞ୍ଚ ଭୋଳାଗିରୀ ସାହୁ ସମ୍ମାନୀତ ଅତିଥି ଭାବରେ ମଞ୍ଚାସୀନ ଥିଲେ। ମୁଖ୍ୟ ଅତିଥିଭାବେ ସରପଞ୍ଚ ଲକ୍ଷ୍ମୀପ୍ରସାଦ ଭାରତୀ ପୁରୋହିତ ଯୋଗଦେଇ କଳାକାରଙ୍କୁ ଉତ୍ସାହିତ କରିଥିଲେ। ଅନୁଷ୍ଠିତ ସଭାରେ ଲୋକକଳାର ବିକାଶ ଓ ତାର ପ୍ରଚାର, ପ୍ରସାର କରାଗଲେ ଆମ ସଂସ୍କୃତି ସୁରକ୍ଷିତ ରହିବ ବୋଲି ଅତିଥିଗଣ ନିଜ ନିଜ ବକ୍ତବ୍ୟ ପ୍ରଦାନ କରିଥିଲେ। ଉପ- ସଭାପତି, ବ୍ଲକ କଳା ସଂସ୍କୃତି ସଂଘ ସ୍ୱାଧୀନ କୁମାର ପରିଡା କାର୍ଯ୍ୟକ୍ରମକୁ ପରିଚାଳନା କରିଥିବାବେଳେ ଭାରପ୍ରାପ୍ତ ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ସାନନ୍ଦ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ବରିଷ୍ଠ କଳାକାର ବାଞ୍ଛାନିଧି ପ୍ରଧାନ, କୃଷ୍ଣଚନ୍ଦ୍ର ମିଶ୍ର, ଅଖଣ୍ଡ ମହାକୁଡ଼, ସ୍ୱାଧୀନ ପରିଡା କଳାକାରଙ୍କ ପାଇଁ ଦିନ ଟିଏ ପରିପ୍ରେକ୍ଷୀରେ ନିଜ ନିଜ ମତ ବ୍ୟକ୍ତ କରିଥିଲେ। ଏହି ଅବସରରେ ୧୫ ଜଣ ବରିଷ୍ଠ କଳାକାର ଓ ବୁଣାକାରଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ପରେ ସମସ୍ତ ଅତିଥି ଓ କଳାକାର ଲୋକ କଳା ଗ୍ରାମ ନାରାୟଣନଗର ପରିଦର୍ଶନ କରି ବରିଷ୍ଠ କଳାକାରମାନଙ୍କୁ ଭେଟି ସେମାନଙ୍କ ସହ ବାର୍ତ୍ତାଳାପ କରିଥିଲେ ଏବଂ ସେମାନଙ୍କୁ ସମ୍ବର୍ଦ୍ଧିତ କରିଥିଲେ ।

## ବୀରମହାରାଜପୁରରେ ବାଇକ ଚୋରି

ବୀରମହାରାଜପୁର,୧୦।୪(ଯୁଗଳ କିଶୋର ମିଶ୍ର)

ସୁବର୍ଣ୍ଣପୁର ଜିଲା ବୀରମହାରାଜପୁର ତ୍ରିବେଣୀ ଛକ ଦୁର୍ଗା ମନ୍ଦିର ନିକଟରୁ ଖଗେଶ୍ୱର ମେହେରଙ୍କ ଏକ ବାଇକ (ନଂ.ଓଡି-୩୧ ଏଚ ୦୪୦୫) ଗୁରୁବାର ଅପରାହ୍ନ ୩ଟାରେ ଚୋରି ହୋଇଥିବା ଅଭିଯୋଗ ହୋଇଛି। ମେହେରଙ୍କ ଅଭିଯୋଗକ୍ରମେ ବୀରମହାରାଜପୁର ଥାନାରେ ଏକ ମାମଲା(ନଂ.୭୮/୨୫)ରୁଜୁ ହୋଇଛି। ଏସଆଇ ଅବିନାଶ ପ୍ରଧାନ ସିସିଟିଭି ଫୁଟେଜ ଦେଖି ତଦନ୍ତ ଆରମ୍ଭ କରିଛନ୍ତି। ବୀରମହାରାଜପୁର ହରିହର ଭେଟ ଫଗୁନ ପୁନି ଯାତ୍ରାରେ ଏକ ବାଇକ ଚୋରି ହୋଇଥିଲା।

## ଝୁଲୁଣ୍ଡା ଚୈତ୍ରମେଳା ସୁବର୍ଣ୍ଣ ଜୟନ୍ତୀ ଶୁଭାରମ୍ଭ

ବିନିକା, ୧୦।୪(ରାମ ଗୋପାଳ ବାଘ)

ସୁବର୍ଣ୍ଣପୁର ଜିଲା ବିନିକା ବ୍ଲକ ଝୁଲୁଣ୍ଡା ପଞ୍ଚାୟତ ବିଲେଇବାହାଲି ମହିମା ଆଶ୍ରମରେ ମହିମା ସଙ୍ଗଠନ ଝୁଲୁଣ୍ଡା ଆନୁକୂଲ୍ୟରେ ତିନି ଦିନ ଧରି ହେବାକୁ ଥିବା ୫୦ ତମ ବାର୍ଷିକ ଚୈତ୍ରମେଳା ତଥା ବିଶ୍ୱଶାନ୍ତି ଅଖଣ୍ଡ ବ୍ରହ୍ମ ଯଜ୍ଞ ଓ ମହିମା ବାଲ୍ୟଲୀଳା (ସୁବର୍ଣ୍ଣଜୟନ୍ତୀ ଅବସର ) ମଠାଧୀଶ ଦାଶରଥି ବାବାଙ୍କ ତତ୍ତ୍ୱାବଧାନରେ ଗୁରୁବାର ଅନୁଷ୍ଠିତ ହୋଇଯାଇଛି। ବଗୁରୁବାର ପୂର୍ବାହ୍ନ ୧୦ଟାରେ ଶତାଧିକ ମହିଳା ସ୍ଥାନୀୟ ଆଶ୍ରମରୁ କଳସ ଶୋଭାଯାତ୍ରାରେ ବାହାରି ବିଲେଇବାହଲି ଜଳାଶୟରୁ ପୂର୍ଣ୍ଣ ଜଳ କଳସ ଆଣି ଯଜ୍ଞ ମଣ୍ଡପରେ ସ୍ଥାପନ କରିଥିଲେ। ରାମକୃଷ୍ଣ ନାଗଙ୍କ ଅଧକ୍ଷତାରେ ଆୟୋଜିତ ଧର୍ମସଭାରେ ମୁଖ୍ୟ ଅତିଥିଭାବେ ଭାଜପା ନେତା ବିଜୟ ମହାକୁର, ମୁଖ୍ୟବକ୍ତା ଶାନ୍ତନୁ ବାବା, ସମ୍ମାନିତ ଅତିଥି ଭାବେ ସମିତି ସଭ୍ୟା ପ୍ରଣତୀ ସାହୁ ଯୋଗ ଦେଇଥିଲେ। ଏହି ଅବସରରେ ପଦ୍ମଶ୍ରୀ ହଲଧର ନାଗ, ସମାଜସେବୀ ଲଳିତ ଜଗତ, ମେଘେନାଥ ପଧାନଙ୍କୁ ଅତିଥିମାନେ ସମ୍ବର୍ଦ୍ଧିତ କରିଥିଲେ। ଶେଷରେ କମିଟି କୋଷାଧକ୍ଷ ଆଲୋକ ତାଣ୍ଡି ଧନ୍ୟବାଦ ଦେଇଥିଲେ। ପରେ ପରେ ମହିମା ଭଜନ, ପଦ୍ମଶ୍ରୀ ହଲଧର ନାଗଙ୍କ କବିତା ପଠନ ଓ ବରଗଡ ଜିଲା ମଣ୍ଡୋସିଲ କଳାକାରଙ୍କ ଦାରା ସମ୍ବଲପୁରୀ ଫୋକଡାନ୍ସ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମ ପରିଚାଳନାରେ କମିଟି ସଭାପତି ରସିକ ନାଗ, ସମ୍ପାଦକ ବିନୋଦ ସୁନା, ସଙ୍କୀର୍ତ୍ତନ ସାଗର, ମହାଦେବ ତାଣ୍ଡି, ସୁଧାଂଶୁ ନାଗ, ସଞ୍ଜୟ ନାଗ ପ୍ରମୁଖ ସହଯୋଗ କରିଥିଲେ।

# ବେଆଇନ ଗଚ୍ଛିତ ୯୩୫ ଲିଟର ଡିଜେଲ ଜବତ

ସୋନପୁର,୧୦।୪(ମୃତ୍ୟୁଞ୍ଜୟ ଶତପଥୀ)

**ମାମଲା ରୁଜୁ କଲା ଯୋଗାଣ ବିଭାଗ**


ଡିଜେଲକୁ ଜବତ କରି ଭ୍ୟାନ୍‌ରେ ନିଆଯାଉଛି।

ସୁବର୍ଣ୍ଣପୁର ଜିଲା ଢୁଙ୍ଗୁରିପାଲି ବ୍ଲକ ପଣ୍ଡକିଟାଲ ବସ୍ତିରୁ ଯୋଗାଣ ବିଭାଗ ଟିମ୍ ଗୁରୁବାର ୯୩୫ଲିଟର ଡିଜେଲ ଜବତ କରିଛି। ପଣ୍ଡକିଟାଲର ଭକ୍ତରାମ ପଧାନ ବେଆଇନ ଭାବେ ନିଜ ଘର ଅଗଣା ଓ ବାରଣ୍ଡାରେ ୧୪ଟି ପ୍ଲାଷ୍ଟିକ୍ ବ୍ୟାରେଲରେ ଡିଜେଲ ଗଚ୍ଛିତ କରି ରଖିଥିଲେ। ବେଆଇନ ଭାବେ ଏହି କାରବାର ଚାଲିଥିବା ମୁଖ୍ୟ ଜିଲା ଯୋଗାଣ ଅଧିକାରୀ ନିରୋଦ ରଞ୍ଜନ ଦାସଙ୍କୁ ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଥିଲା। ମୁଖ୍ୟ ଜିଲା ଯୋଗାଣ ଅଧିକାରୀଙ୍କ ନିର୍ଦ୍ଦେଶକ୍ରମେ ବିଭାଗର ଏକ ୫ଜଣିଆ ଟିମ୍ ଘଟଣାସ୍ଥଳକୁ ଯିବା ପରେ ସତ୍ୟତା ଜଣା ପଡିଥିଲା। ଟିମ୍‌ର ଚଢାଉ ପରେ ୨ଟି ବଡ ପ୍ଲାଷ୍ଟିକ୍ ବ୍ୟାରେଲ ଓ ୧୨ଟି ସାନ ପ୍ଲାଷ୍ଟିକ୍ ବ୍ୟାରେଲରେ ଡିଜେଲ ଥିବା ଠାବ ହୋଇଥିଲା। ମାପ ପରେ ମୋଟ ୯୩୫ଲିଟର ଡିଜେଲ ଗଚ୍ଛିତ ଥିବା ଜଣା ପଡିଥିଲା। ଜବତ ଡିଜେଲକୁ ଯୋଗାଣ ବିଭାଗ ପଣ୍ଡକିଟାଲର ବଜରଙ୍ଗ ଫୁଏଲ୍ସକୁ ଜିମା ଦେଇଛି। ଭକ୍ତରାମ ବିନା ଲାଇସେନ୍ସରେ ପେଟ୍ରୋଲିୟମ ଜାତ ପଦାର୍ଥ ମହଜୁଦ୍ ରଖି ବିକ୍ରି କରୁଥିବା ଅଭିଯୋଗ ହୋଇଛି। ଆଇନର ଉଲ୍ଲଂଘନ ଅଭିଯୋଗରେ ଯୋଗାଣ ବିଭାଗ ପକ୍ଷରୁ ତାଙ୍କ ନାମରେ ଏକ ମାମଲା ରୁଜୁ ହୋଇଛି। ନିୟମ ଅନୁଯାୟୀ ଏହି ମାମଲା ଜିଲାପାଳଙ୍କ କୋର୍ଟରେ ବିଚାର ହେବ ବୋଲି ଜଣାପଡିଛି। ସୋନପୁର ସଦର ସହକାରୀ ଯୋଗାଣ ଅଧିକାରୀ ରେବତୀ ସିଂ ନାୟକ, ହେଡ୍‌କ୍ୱାର୍ଟର୍ସ ସହକାରୀ ଯୋଗାଣ ଅଧିକାରୀ ପ୍ରଭାତ କୁମାର ଦାସ, ବୀରମହାରାଜପୁର ସହକାରୀ ଯୋଗାଣ ଅଧିକାରୀ ଲଳିତ ମୋହନ ପଟ୍ଟନାୟକ, ଢୁଙ୍ଗୁରିପାଲି ଯୋଗାଣ ନିରୀକ୍ଷକ ସୁବ୍ରତ କୁମାର ପାଣି ଓ ବିନିକା ଯୋଗାଣ ନିରୀକ୍ଷକ ପ୍ରମୋଦ କୁମାର ପଣ୍ଡା ଏହି ଚଢାଉରେ ସାମିଲ ଥିଲେ।

# ସିଦ୍ଧାର୍ଥ ଡିଗ୍ରୀ କଲେଜରେ ରକ୍ତଦାନ ଶିବିର


ଅତିଥିଙ୍କ ଉପସ୍ଥିତିରେ ଜଣେ ରକ୍ତଦାନ କରୁଛନ୍ତି।

ବିନିକା,୧୦।୪(ରାମ ଗୋପାଳ ବାଘ)

ସୁବର୍ଣ୍ଣପୁର ଜିଲା ବିନିକା ସିଦ୍ଧାର୍ଥ ଡିଗ୍ରୀ କଲେଜରେ ଗୁରୁବାର ଓଡ଼ିଆ ପକ୍ଷ ପାଳନ ଅବସରରେ ଏକ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଯୁବ ରେଡକ୍ରସ ବିଭାଗ, ରେଡ ରିବିନ କ୍ଲବ ଏବଂ ଜାତୀୟ ସେବା ଯୋଜନାର ମିଳିତ ଆନୁକୂଲ୍ୟରେ ଅନୁଷ୍ଠିତ ଶିବିରକୁ କଲେଜ ଅଧକ୍ଷ ଡ଼ ଧୀରେନ୍ଦ୍ର କୁମାର ନାୟକ ଉଦଘାଟନ କରିଥିଲେ। ଯୁବ ରେଡକ୍ରସ ସୁବର୍ଣ୍ଣପୁର ଜିଲା ସଂଯୋଜକ ତଥା ଅର୍ଥନୀତି ଅଧାପକ ବିଶନାଥ ମିଶ୍ରଙ୍କ ପରିଚାଳନାରେ ଅନୁଷ୍ଠିତ ଏହି ଶିବିରରେ ୧୮ଜଣ ରକ୍ତଦାନ କରିଥିଲେ। ସୁବର୍ଣ୍ଣପୁର ରକ୍ତ ଭଣ୍ଡାରରୁ ଡ଼ ମନୋଜ କୁମାର ପ୍ରଧାନ, ଜଗତ ଦରୱାନ, ସୁଦାମ ବିଶାଳ, ଯୁଧିଷ୍ଠିର ନାଏକ, ଟଙ୍କଧର କୁଁଅର ରକ୍ତ ସଂଗ୍ରହ କରିଥିଲେ। ଶିବିର ପରିଚାଳନାରେ କଲେଜ ରେଡକ୍ରସ ବିଭାଗ ଓ ଜାତୀୟ ସେବା ଯୋଜନାର ସ୍ୱେଚ୍ଛାସେବୀ ଉପସ୍ଥିତ ଥିଲେ। ଏନଏସଏସ ପ୍ରୋଗ୍ରାମ ଅଧିକାରୀ ହରିଶ୍ଚନ୍ଦ୍ର ହୋତା ସମସ୍ତଙ୍କୁ ପ୍ରଶଂସା କରିଥିଲେ।

# ଆୟୁଷ୍ମାନ ଭାରତ ଯୋଜନା ଶୁଭାରମ୍ଭ ପାଇଁ ପ୍ରସ୍ତୁତି


ସମ୍ମିଳନୀରେ ଅତିରିକ୍ତ ଜିଲାପାଳ ଓ ଅନ୍ୟଅଧିକାରୀ।

ବୌଦ୍ଧ,୧୦।୪( ଅଜିତ କୁମାର ବାରିକ)

ରାଜ୍ୟରେ ଆୟୁଷ୍ମାନ ଭାରତ ଯୋଜନା ଆସନ୍ତା ୧୧ ତାରିଖରୁ କାର୍ଯ୍ୟକାରୀ ହେବାକୁଥିବାବେଳେ ବୌଦ୍ଧ ଜିଲା ସ୍ତରରେ ଏନେଇ ବ୍ୟାପକ ପ୍ରସ୍ତୁତି କରାଯାଇଛି। ଜିଲାରେ ୨,୧୭,୭୧୦ ଜଣ ହିତାଧିକାରୀ ଚିହ୍ନଟ ହୋଇଥିବାବେଳେ ପ୍ରଥମ କିସ୍ତିରେ ୧୪,୧୫୫ ଜଣଙ୍କୁ କାର୍ଡ ବଣ୍ଟନ କରାଯିବ। ଅବଶିଷ୍ଟ ହିତାଧିକାରୀଙ୍କୁ ପର୍ଯ୍ୟାୟକ୍ରମେ ଏହି କାର୍ଡ ବଣ୍ଟନ କରାଯିବବୋଲି ଜିଲା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଜିଲାପାଳଙ୍କ କାର୍ଯ୍ୟାଳୟରେ ଗୁରୁବାର ଆୟୋଜିତ ଏକ ଖବରଦାତା ସମ୍ମିଳନୀରେ ସୂଚନା ପ୍ରଦାନ କରାଯାଇଛି। ଅତିରିକ୍ତ ଜିଲାପାଳ ଅନିରୁଦ୍ଧ ପଧାନଙ୍କ ଅଧକ୍ଷତାରେ ଖବରଦାତା ସମ୍ମିଳନୀ ଅନୁଷ୍ଠିତ ହୋଇଥିଲା। ଯୋଜନାର ଶୁଭାରମ୍ଭ ପାଇଁ ହିତାଧିକାରୀମାନଙ୍କ ନିକଟରେ ସଠିକ୍ ଭାବରେ ବାର୍ତ୍ତା ପହଞ୍ଚାଇବାକୁ ୩ଟି ବ୍ଲକର ୧୨ଟି ଭିନ୍ନ ଭିନ୍ନ ସ୍ୱାସ୍ଥ୍ୟ କେନ୍ଦ୍ରରେ ଓ ବୌଦ୍ଧ ଏନଏସିରେ ଉତ୍ସବ ଆୟୋଜନ କରାଯାଇ ଏହାର ସିଧାପ୍ରସାରଣ ଦେଖିବାର ବ୍ୟବସ୍ଥା କରାଯାଇଛି। କାର୍ଯ୍ୟକ୍ରମକୁ ବୌଦ୍ଧ ଓ କନ୍ଧମାଳ ବିଧାୟକଙ୍କ ସମେତ ପଞ୍ଚାୟତିରାଜ ପ୍ରତିନିଧିମାନଙ୍କୁ ଅତିଥିଭାବେ ନିମନ୍ତ୍ରଣ କରାଯାଇଛି। ପରିବାରର ପ୍ରତି ସଦସ୍ୟଙ୍କ ପାଇଁ ଏହି ଆୟୁଷ୍ମାନ କାର୍ଡ ପ୍ରଦାନ ବ୍ୟବସ୍ଥା କରାଯାଇଥିବାବେଳେ ହିତାଧିକାରୀମାନଙ୍କ ନିକଟରେ ଏହାକୁ ଠିକ୍ ଭାବରେ ପହଞ୍ଚାଇବାକୁ ଯୋଜନା କରାଯାଇଛି। ସମ୍ମିଳନୀରେ ଜିଲାପରିଷଦର ମୁଖ୍ୟ ଉନ୍ନୟନ ତଥା କାର୍ଯ୍ୟନିର୍ବାହୀ ଅଧିକାରୀ ପ୍ରଭାସ ଚନ୍ଦ୍ର ଦଣ୍ଡସେନା, ଜିଲା ମୁଖ୍ୟ ଚିକିତ୍ସାଧିକାରୀ ଡ.ମଦନମୋହନ ପ୍ରଧାନ,ଡିଏମଓ ଡ. ସଂଘମିତ୍ରା ପଣ୍ଡା, ଡିପିଏମ ରୁପକ ମହାପାତ୍ର, ନୋଡାଲ ଅଧିକାରୀ ଡ. ସୁରଜିତ ଗରାବଡୁ, ହସ୍ପିଟାଲ ମ୍ୟାନେଜର ସଚ୍ଚିଦାନନ୍ଦ ପାଢ଼ୀ, ବୌଦ୍ଧ ଏନଏସି ନିର୍ବାହୀ ଅଧିକାରୀ ସତ୍ୟନାରାୟଣ ପ୍ରଧାନ,ସହକାରୀ ଯନ୍ତ୍ରୀ ପବିତ୍ର ମୋହନ ପ୍ରଧାନ ଏବଂ ଜିଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ରିତାକାନ୍ତି ବଳିୟାରସିଂହ ପ୍ରମୁଖ ଉପସ୍ଥିତ ଥିଲେ।

# ୧୦ ବରିଷ୍ଠ କଳାକାର ସମ୍ବର୍ଦ୍ଧିତ


ସମ୍ବର୍ଦ୍ଧିତ କଳାକାର ଓ ଅନ୍ୟମାନେ।

ତରଭା,୧୦।୪(ମାନଭଞ୍ଜନ ମିଶ୍ର)

ସୁବର୍ଣ୍ଣପୁର ଜିଲା ତରଭା ବ୍ଲକ ସଭାଗୃହରେ ଗୁରୁବାର ପୂର୍ବାହ୍ନରେ ଲୋକକଳା ପାଇଁ ଦିନଟିଏ କାର୍ଯ୍ୟକ୍ରମ ବିଡ଼ିଓ ଗଙ୍ଗାରାମ ବୁଡେକଙ୍କ ଅଧକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ବ୍ଲକ ଅଧକ୍ଷା ସରୋଜ କମ୍ପ ମୁଖ୍ୟ ଅତିଥି ଭାବେ ଯୋଗଦେଇଥିଲେ। ବ୍ଲକ କଳା ସଂସ୍କୃତି ସଂଘ ଉପ ସଭାପତି ମାନଭଞ୍ଜନ ମିଶ୍ର, ଏବିଡ଼ିଓ ନିରଞ୍ଜନ ନାଏକ ଯୋଗଦେଇ ତରଭା ବ୍ଲକରେ ରହିଥିବା ଲୁକ୍କାୟିତ କଳାକାରମାନଙ୍କ ପ୍ରତିଭା ଯେମିତି ସୁଦୂର ପ୍ରସାରି ହୋଇପାରିବ ସେଥିପ୍ରତି ସମସ୍ତଙ୍କ ପ୍ରୟାସ ଜାରି ରହୁ ବୋଲି ଅତିଥିମାନେ ପ୍ରକାଶ କରିଥିଲେ। ଏହି କାର୍ଯ୍ୟକ୍ରମରେ ତରଭା ଅଞ୍ଚଳର ୧୦ଜଣ କଳାକାର ବୃନ୍ଦାବନ ସାହୁ, ବାବାଜୀ ମନହିରା, ହରିହର ମିଶ୍ର, ଗୌର ନାଗ, ତପନ କୁଅାଁର, ଦୁଃଖିଶ୍ୟାମ ମିଶ୍ର, ଅଭିମନ୍ୟୁ କର୍ମୀ, କ୍ଷମାନିଧି ବର୍ଗତି, ମହାଦେବ ଷାଣ୍ଡ, ଗୋକୁଳ ନାୟକଙ୍କୁ ବ୍ଲକ ତରଫରୁ ସମ୍ବର୍ଦ୍ଧିତ କରଯାଇଥିଲା । ଶେଷରେ ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ପ୍ରଭାସ କର୍ଣ୍ଣ ଧନ୍ୟବାଦ ଅର୍ପଣ କରିଥିଲେ।

# ଭିଏସଏସ କ୍ଲବ ମନୁପାଲି, ଫ୍ରେଣ୍ଡସ କ୍ଲବ ବିଜୟୀ

ବୌଦ୍ଧ,୧୦।୪(ଅଜିତ କୁମାର ବାରିକ)

**ଫୁଟବଲ ଟୁର୍ଣ୍ଣାମେଣ୍ଟର ଚତୁର୍ଥ ଦିବସ**

ବୌଦ୍ଧ ଜିଲା ଷ୍ଟାଡିୟମଠାରେ ଚାଲିଥିବା ମୁଖ୍ୟମନ୍ତ୍ରୀ ଟ୍ରଫି ଫୁଟବଲ ଟୁର୍ଣ୍ଣାମେଣ୍ଟର ଗୁରୁବାର ଚତୁର୍ଥ ଦିନର ଖେଳ ୨ଟି ପର୍ଯ୍ୟାୟରେ ହୋଇଥିଲା। ସକାଳେ ଭିଏସଏସ କ୍ଲବ ମନୁପାଲି ଓ ଏମଏମୱାଇସି ମାଉଳିସିଙ୍ଗା ମଧ୍ୟରେ ଖେଳ ଅନୁଷ୍ଠିତ ହୋଇଥିଲା। ଭିଏସଏସ କ୍ଲବ ମନୁପାଲି ଟିମ୍ ୨-୧ ଗୋଲ୍‌ରେ ବିଜୟୀ ହୋଇଥିଲା। ସେହିପରି ଅପରାହ୍ନ ଟୁର୍ଣ୍ଣାମେଣ୍ଟର ଦ୍ୱିତୀୟ ଖେଳ ଫ୍ରେଣ୍ଡସ କ୍ଲବ ଓ ଜିଏମସି ନୂଆସାହି ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ଏଥିରେ ଫ୍ରେଣ୍ଡସ କ୍ଲବ ୯-୦ ଗୋଲ୍‌ରେ ବିଜୟୀ ହୋଇଥିଲା। ଅତିଥିଭାବେ ଡେପୁଟି କଲେକ୍ଟର ତୃପ୍ତିମୟୀ ଜେନା, ଜିଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ରିତାକାନ୍ତ ବଳିୟାରସିଂ, ଭେଟେରାନ ଫୁଟବଲ ଖେଳାଳି ବ୍ରଜ କିଶୋର ପ୍ରଧାନ, ଜିଲା ଅଡିଟ ଅଧିକାରୀ ରଜନୀକାନ୍ତ ସେଠ୍, କନ୍ଧମାଳ ଜିଲା କ୍ରୀଡା ଅଧିକାରୀ ସମୀର କୁମାର ନାଏକ ଯୋଗ ।ଦେଇ ଖେଳାଳିଙ୍କୁ ଉତ୍ସାହିତ କରିଥିଲେ। ଖେଳକୁ ରେଫରୀଭାବେ ଅମିତ ନାଏକ ପରିଚାଳନା କରିଥିବାବେଳେ ଲାଇନରେ ପ୍ରମୋଦ ବେହେରା ଓ ବଳରାମ ବେହେରା ସହାୟତା କରିଥିଲେ। ଚତୁର୍ଥ ରେଫରୀ ଭାବେ ସୂର୍ଯ୍ୟକାନ୍ତ ବେହେରା ଦାୟିତ୍ୱ ତୁଲାଇଥିଲେ।


ଅତିଥିଙ୍କ ଗହଣରେ ଖେଳାଳିମାନେ।

# ଉଲୁଣ୍ଡା, ନିମ୍ନା ଓ ରାମଧୁନ ସି ବିଜୟୀ

ସୋନପୁର,୧୦।୪(ମୃତ୍ୟୁଞ୍ଜୟ ଶତପଥୀ)


ଅତିଥି, ରେଫେରି ଓ କର୍ମକର୍ତ୍ତାଙ୍କ ଗହଣରେ ଖେଳାଳିମାନେ।

**ମୁଖ୍ୟମନ୍ତ୍ରୀ ଅନ୍ତଃ କ୍ଲବ ଫୁଟବଲ ଚାମ୍ପିୟନଶିପ୍**

ସୁବର୍ଣ୍ଣପୁର ଗାନ୍ଧୀ ଷ୍ଟାଡିୟମରେ ଚାଲିଥିବା ୧୫ ବର୍ଷରୁ କମ୍ ମୁଖ୍ୟମନ୍ତ୍ରୀ ଅନ୍ତଃ କ୍ଲବ ଜିଲାସ୍ତରୀୟ ଫୁଟବଲ ଚାମ୍ପିୟନଶିପ୍‌ର ଗୁରୁବାର ଚତୁର୍ଥ ଦିବସରେ ତିନୋଟି ମ୍ୟାଚ୍ ହୋଇଥିଲା। ଏଥିରେ ବିଏସଏ ଉଲୁଣ୍ଡା, ବୀରମହାରାଜପୁର ଇଲେଭେନ ଓ ରାମଧୁନ କ୍ଲବ ସି ବିଜୟୀ ହୋଇଛନ୍ତି। ବିଏସଏ ଉଲୁଣ୍ଡା ଓ ରାମଧୁନ କ୍ଲବ ବି ମଧ୍ୟରେ ପ୍ରଥମ ମ୍ୟାଚ୍ ହୋଇଥିଲା। ଉଲୁଣ୍ଡା ୧-୦ ଗୋଲରେ ବିଜୟୀ ହୋଇଥିଲା। ଦ୍ୱିତୀୟ ମ୍ୟାଚ୍ ରାମଧୁନ ଏ ଓ ରାମଜୀ କ୍ଲବ ନିମ୍ନା ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ରାମଜୀ କ୍ଲବ ନିମ୍ନା ୧-୦ ଗୋଲରେ ବିଜୟୀ ହୋଇଥିଲା। ତୃତୀୟ ମ୍ୟାଚ୍ ରାମଧୁନ କ୍ଲବ ସି ଓ ବୀରମହାରାଜପୁର ଇଲେଭେନ୍ ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ବୀରମହାରାଜପୁର ଦଳ ୧-୦ଗୋଲରେ ବିଜୟୀ ହୋଇଥିଲେ। ଜିଲା କ୍ରୀଡା ଅଧିକାରୀ ଚିତ୍ତରଞ୍ଜନ ମିଶ୍ର, ଆଶାରାମ ନାଏକ, ସ୍ୱଚ୍ଛ ଭାରତ ସଙ୍ଗଠନ ସଭାପତି ସୟଦ ଅଲିମୁଲ ଇସଲାମ ଅତିଥି ଭାବେ ଯୋଗଦେଇ ମ୍ୟାଚ୍‌କୁ ଉଦ୍‌ଘାଟନ କରିଥିଲେ। ଦିଗମ୍ବର ଶତପଥୀ, ଦିଲ୍ଲିପ ପାତ୍ର ଓ ମନୋରଞ୍ଜନ ତ୍ରିପାଠୀ ଧାରା ବିବରଣୀ ପ୍ରଦାନ କରିଥିଲେ। ଜିଲା କ୍ରୀଡା ସଂଘ ସମ୍ପାଦକ ପୀୟୁଷ ପଣ୍ଡାଙ୍କ ତତ୍ତ୍ୱାବଧାନରେ ସମସ୍ତ ମ୍ୟାଚ୍ ଆୟୋଜିତ ହୋଇଥିଲା।

# ୧୨୨ ଦୋକାନ ଗୃହ ଉଦ୍‌ଘାଟିତ

ଅତାବିରା,୧୦।୪(ଯୁଧିଷ୍ଠିର ମହାପାତ୍ର)

ବରଗଡ଼ ଅତାବିରା ନିୟନ୍ତ୍ରିତ ବଜାର କମିଟି ଅଧୀନ ଅତାବିରା ଓ ଗୋଡ଼ଭଗାରେ ନିର୍ମିତ ୧୨୨ଟି ଦୋକାନ ଗୃହକୁ ସମବାୟ, ହସ୍ତତନ୍ତ, ବୟନଶିଳ୍ପ ଏବଂ ହସ୍ତଶିଳ୍ପ ମନ୍ତ୍ରୀ ପ୍ରଦୀପ ବଳ ସାମନ୍ତ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଗୁରୁବାର ସନ୍ଧ୍ୟାରେ ଉଦ୍‌ଘାଟନ କରିଛନ୍ତି। ଏଥିରେ ଅତାବିରା ମୁଖ୍ୟ ମଣ୍ଡିରେ ୨କୋଟି ୪୦ଲକ୍ଷ ଟଙ୍କାରେ ୭୮ଟି ଦୋକାନ ଗୃହ ଏବଂ ଗୋଡଭଗା ମଣ୍ଡିରେ ୨କୋଟି ଟଙ୍କାରେ ୪୪ଟି ଦୋକାନ ଗୃହ ରହିଛି। ବିପଣନ ବ୍ୟବସ୍ଥା ସୁଦୃଢ ହେଲେ କୃଷକଙ୍କ ଜୀବନଜୀବିକା ସୁରକ୍ଷିତ ହେବ ବୋଲି ମନ୍ତ୍ରୀ କହିଥିଲେ। ଏହାସହିତ ଝିଲିମିଣ୍ଡା ଗ୍ରାମକୁ କ୍ରାଫ୍ଟ ଗ୍ରାମ ରୂପେ ଘୋଷଣା କରି ୨କୋଟି ୮ଲକ୍ଷ ଟଙ୍କାର ଅନୁଦାନ ଘୋଷଣା କରିଥିଲେ। ଏହି ଅବସରରେ ଅତାବିରା ମଣ୍ଡି ପରିସରରେ ଅର୍ଚ୍ଚନା ବାଗଙ୍କ ପରିଚାଳନାରେ ଅନୁଷ୍ଠିତ ସଭାରେ ବରଗଡ଼ ଏମ୍‌ପି ପ୍ରଦୀପ ପୁରୋହିତ, ଅତାବିରା ବିଧାୟକ ନିହାର ରଞ୍ଜନ ମହାନନ୍ଦ, ବରଗଡ଼ ବିଧାୟକ ଅଶ୍ୱିନୀ ଷଡ଼ଙ୍ଗୀ, ଜିଲାପାଳ ଆଦିତ୍ୟ ଗୋୟଲ, ଉପଜିଲାପାଳ ପ୍ରସନ୍ନ କୁମାର ପାଣ୍ଡେ ସମ୍ମାନୀତ ଅତିଥି ଭାବେ ମଞ୍ଚାସିନ ଥିଲେ। ଓଡ଼ିଶା ରାଜ୍ୟ କୃଷକ ସଙ୍ଗଠନ ଅତାବିରାର ସଭାପତି ବୀରେନ୍ଦ୍ର କରଙ୍କ ନେତୃତ୍ୱରେ ସଙ୍ଗଠନର ସଦସ୍ୟମାନେ ଚାଷୀମାନଙ୍କ ବିଭିନ୍ନ ସମସ୍ୟା ନେଇ ମନ୍ତ୍ରୀଙ୍କୁ ଏକ ଦାବିପତ୍ର ପ୍ରଦାନ କରିଥିଲେ। ଅତାବିରା ତହସିଲଦାର କେ.ରୀଚି କୁମାର, ଅତିରିକ୍ତ ତହସିଲଦାର ଅଙ୍କିତ ପଣ୍ଡା, ବିଡ଼ିଓ ରୀପୁନାଥ ସୁନା, ଭାଜପା ଜିଲା ସଭାପତି ଡା. ଅରୁପାନନ୍ଦ ସାହୁ, ସମ୍ପାଦକ କୁଶ କୁମାର, ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ସୌରୀ ବାରିକ, ଆର୍‌ଏମ୍‌ସି ସମ୍ପାଦକ ଶଶାଙ୍କ ଶେଖର ସାହାଣୀ, ଆର୍‌ଏମ୍‌ସି କର୍ମଚାରୀ, ଭାଜପା କାର୍ଯ୍ୟକର୍ତ୍ତା, ମହିଳା ଗୋଷ୍ଠୀ ସଦସ୍ୟା ଉପସ୍ଥିତ ଥିଲେ।



ସୁନ୍ଦରଗଡ଼ ଜିଲା ବଡ଼ଗାଁର ପ୍ରସିଦ୍ଧ ରାମଲୀଳା ଯାତ୍ରାର ତୃତୀୟ ରଜନୀରେ ସୀତାଙ୍କ ସ୍ୱୟଂବର ଦୃଶ୍ୟ ଅଭିନୀତ ହୋଇଛି ।

# ଧନୁ ଭଙ୍ଗ, ସୀତା ସ୍ୱୟଂବର

ବଡ଼ଗାଁ,୧୦।୪(ଅଶୋକ ଷଡଙ୍ଗୀ)

**ବଡ଼ଗାଁ ରାମଲୀଳା ଯାତ୍ରା**

ସୁନ୍ଦରଗଡ଼ ଜିଲା ବଡ଼ଗାଁର ପ୍ରସିଦ୍ଧ ରାମଲୀଳା ଯାତ୍ରାର ତୃତୀୟ ଓ ଚତୁର୍ଥ ରଜନୀରେ ରାମାୟଣର ଆଦ୍ୟ କାଣ୍ଡ ଓ ଅଯୋଧ୍ୟା କାଣ୍ଡ ପାଠ କରାଯାଇ ମୁକ୍ତ ମଞ୍ଚରେ ଏହି ବିଷୟବସ୍ତୁ ଉପରେ କଳାକାରମାନେ ଅଭିନୟ ପ୍ରଦର୍ଶିତ କରିଥିଲେ। ତୃତୀୟ ରଜନୀର ବିଷୟବସ୍ତୁ ଅନୁଯାୟୀ, ସୀତାଙ୍କ ସ୍ୱୟଂମ୍ବର ପାଇଁ ମିଥିଳା ନରେଶ ରାଜର୍ଷୀ ଜନକ ଆର୍ଯ୍ୟାବର୍ତ୍ତର ସମସ୍ତ ରାଜକୁମାରଙ୍କୁ ନିମନ୍ତ୍ରଣ କରିଥିଲେ। ଏଥିରେ ବହୁ ରାଜକୁମାର ଅଂଶଗ୍ରହଣ କରିଥିଲେ। ରାଜା ଜନକଙ୍କ ସର୍ତ୍ତ ଅନୁଯାୟୀ ଶିବ ଧନୁ ଭଙ୍ଗ କଲେ ସୀତାଙ୍କୁ ସେହି ରାଜକୁମାରଙ୍କ ସହିତ ବିବାହ ଦେବେ। ସର୍ତ୍ତ ଅନୁସାରେ ରାଜକୁମାରମାନେ ଶିବ ଧନୁ ଭାଙ୍ଗିବା ପାଇଁ ଚେଷ୍ଟା କରି ବିଫଳ ହୋଇଥିଲେ। ବିଶାମିତ୍ରଙ୍କ ସହିତ ଶ୍ରୀରାମ ଓ ଲକ୍ଷ୍ମଣ ମଧ୍ୟ ସ୍ୱୟଂମ୍ବର ଦେଖିବାକୁ ଯାଇଥିଲେ। ସେଠାରେ ଋଷି ବିଶାମିତ୍ରଙ୍କ ଆଦେଶରେ ରାମଚନ୍ଦ୍ର ଶିବ ଧନୁ ଭଙ୍ଗ କରିଥିଲେ। ରାଜା ଜନକ ଅତ୍ୟନ୍ତ ପ୍ରିତ ହୋଇ ସୀତାଙ୍କୁ କନ୍ୟାଦାନ କରିବା ସହ ଶ୍ରୀରାମଙ୍କୁ ସୀତା ବରଣ ମାଳା ଦେଇଥିଲେ। ତୃତୀୟ ରଜନୀରେ ସୀତା ସ୍ୱୟଂମ୍ବର ହୋଇଥିଲାବେଳେ ବୁଧବାର ରାତିରେ ସୀତା ବିବାହ ହୋଇଥିଲା। ଏହି ବିଷୟବସ୍ତୁ ଅନୁସାରେ ରାଜା ଦଶରଥ ଚିଟାଉ ପାଇ ଭାରତ ଓ ଶତ୍ରୁଘ୍ନଙ୍କ ସହିତ ସନ୍ୟ ସାମନ୍ତ ନେଇ ମିଥିଳା ନଗରୀକୁ ଯାଇଥିଲେ। ସେଠାରେ ରାଜର୍ଶୀ ଜନକଙ୍କ ପୌତ୍ରି ସୀତା, ମାଣ୍ଡବୀ, ଶ୍ରୁତର୍କିର୍ତ୍ତୀ ଓ ଉର୍ମିଳାଙ୍କ ସହିତ ରାମ, ଲକ୍ଷ୍ମଣ, ଭରତ ଓ ଶତ୍ରୁଘ୍ନଙ୍କ ବିବାହ ସମ୍ପନ୍ନ ହୋଇଥିଲା। କଳାକାରଙ୍କ ଦ୍ୱାରା ଅଭିନୀତ ଏହି ଚରିତ୍ର ଗୁଡ଼ିକ ବେଶ ଉପଭୋଗ୍ୟ ହୋଇଥିଲା। ଲଟାପଡା ସ୍ଥିତ ସମଲେଇ ମନ୍ଦିରରୁ ବିଶାଳ ପଟୁଆରରେ ବସ୍ତି ସ୍ଥିତ ଦେବ ମଣ୍ଡପକୁ ରାମ ଲକ୍ଷ୍ମଣ ଭରତ ଓ ଶତ୍ରୁଘ୍ନ ପହଞ୍ଚିଥିଲେ। ସେଠାରେ ରୀତିନୀତି ଅନୁଯାୟୀ ନବ ଦମ୍ପତ୍ତିଙ୍କୁ ମହିଳାମାନେ ଗାଲସେକା କରି ଗୃହ ପ୍ରବେଶ କରାଇଥିଲେ। ଏହି ବିଷୟବସ୍ତୁର ରାମ, ଲକ୍ଷ୍ମଣ, ସୀତା, ଭରତ, ଶତ୍ରୁଘ୍ନ, ରାଜା ଦଶରଥ, ବିଶାମିତ୍ର, ଉର୍ମିଳା, ମାଣ୍ଡବୀ, ଶ୍ରୁତର୍କିର୍ତ୍ତୀ, ରାଜା ଜନକ, ଜନକ ରାଜାଙ୍କ ମନ୍ତ୍ରୀ, ଦଶରଥ ରାଜାଙ୍କ ମନ୍ତ୍ରୀ ଭୂମିକାରେ ଯଥାକ୍ରମେ, ଲୁଲୁ ପାଣିଗ୍ରାହୀ, ଦୀପକ ପୃଷେଟ, କମଲେନ୍ଦୁ ପାଣିଗ୍ରାହୀ, ରଞ୍ଜନ ପାଣିଗ୍ରାହୀ, ରକୀ ସା, ତାପସ ପଣ୍ଡା, ରାଜେଶ ଚକ୍ରବର୍ତ୍ତୀ, ରାମ ସା, ଭୋଜରାଜ ପୃଷେଟ, ସୁବୋଧ ସା, କମଳ ସା, ବିଟୁ କାଲୋ, ବବଲୁ ପୃଷେଟ ଅଭିନୟ କରିଥିଲାବେଳେ ସଖୀ ଭୂମିକାରେ ମହାଦେବ ସା, ଲାଲିନ୍ଦ୍ର ସା ଓ ଟିଙ୍କିଲି ଅଭିନୟ କରିଥିଲେ।

# ସୋଲାର ଷ୍ଟ୍ରାଇକର, ୟଙ୍ଗ ଫାଇଟର ବିଜୟୀ

ଅମରପାଲି, ୧୦।୪(ପୀତାମ୍ବର ସାହୁ)

ସୁବର୍ଣ୍ଣପୁର ଜିଲା ବୀରମହାରାଜପୁର ବ୍ଲକ ବହଳପଦର ପ୍ରିମିୟର ଲିଗ କ୍ରିକେଟର ଗୁରୁବାର ଦୁଇଟି ମ୍ୟାଚ ହୋଇଥିଲା। ପ୍ରଥମ ମ୍ୟାଚରେ କିଙ୍ଗ କୋବ୍ରାକୁ ହରାଇ ସୋଲାର ଷ୍ଟ୍ରାଇକର ବିଜୟୀ ହୋଇଥିବା ବେଳେ ଦ୍ୱିତୀୟ ମ୍ୟାଚରେ ନଟରାଜ ଫାଇଟରସ୍‌କୁ ହରାଇ ୟଙ୍ଗ ଫାଇଟର ବିଜୟୀ ହୋଇଛି। କିଙ୍ଗ କୋବ୍ରା ପ୍ରଥମେ ବ୍ୟାଟିଂ କରି ୧୦ ଓଭରରେ ୯ ଉଇକେଟ ହରାଇ ୮୭ରନ କରିଥିଲା। ଜବାବରେ ସୋଲାର ଷ୍ଟ୍ରାଇକର ଦଳ ୫.୨ ଓଭରରେ ଗୋଟିଏ ଉଇକେଟ ହରାଇ ୯୩ ରନ କରି ବିଜୟୀ ହୋଇଥିଲା। ଦ୍ୱିତୀୟ ମ୍ୟାଚରେ ନଟରାଜ ଫାଇଟର ଦଳ ୧୦ ଓଭରରେ ୫ ଉଇକେଟ ହରାଇ ୧୧୮ ରନ କରିଥିଲା। ଜବାବରେ ୟଙ୍ଗ ଫାଇଟର ଦଳ ଆବଶ୍ୟକ ୧୧୯ ରନ କୁ ୯ ଓଭରରେ ୩ ଉଇକେଟ ହରାଇ ସଂଗ୍ରହ କରି ବିଜୟୀ ହୋଇଥିଲା।

# ମୃତକଙ୍କ ପରିବାରକୁ ୧୦ ଲକ୍ଷ କ୍ଷତିପୂରଣ

କୁଆଁରମୁଣ୍ଡା,୧୦।୪(ମହେନ୍ଦ୍ର କୁମାର ସାହୁ)

**ଜଙ୍ଗଲରେ ନିଆଁ ଲିଭାଇଲାବେଳେ ପୋଡ଼ିହୋଇ ଠିକା କର୍ମଚାରୀଙ୍କ ମୃତ୍ୟୁ ଘଟଣା**

ଇସ୍ପାତ ଜେନେରାଲ ହସ୍ପିଟାଲରେ ବୁଧବାର ଚିକିତ୍ସାଧୀନ ଅବସ୍ଥାରେ ଠିକା ବନ କର୍ମଚାରୀ ସମରା ଓରାମ(୩୮)ଙ୍କ ମୃତ୍ୟୁ ଘଟିଥିଲା। ଗୁରୁବାର ମୃତକଙ୍କ ଗ୍ରାମ କଚାରୁ ପଞ୍ଚାୟତ ରାମପୁରବାସୀ କୁଆଁରମୁଣ୍ଡା ରେଞ୍ଜ କାର୍ଯ୍ୟାଳୟରେ ପହଞ୍ଚି ଉପଯୁକ୍ତ କ୍ଷତିପୂରଣ ଦାବି କରିଥିଲେ। ଦାବି ପୂରଣ ନ ହେବା ପର୍ଯ୍ୟନ୍ତ ସେମାନେ ମୃତଦେହ ବ୍ୟବଚ୍ଛେଦ କରିବାକୁ ଦେବେ ନାହିଁ ବୋଲି ଜିଦ୍‌ରେ ରହିଥିଲେ। ଶେଷରେ ରାଉରକେଲା ଡିଏଫ୍‌ଓ ଯଶୋବନ୍ତ ସେଠୀ ଉତ୍ତ୍ୟକ୍ତ ଲୋକଙ୍କୁ ବୁଝାଶୁଝା କରିବା ପରେ ପରିସ୍ଥିତି ସ୍ୱାଭାବିକ ହୋଇଥିଲା। ଗ୍ରାମବାସୀଙ୍କ ଦାବି ମୁତାବକ ମୃତକଙ୍କ ପରିବାରକୁ କ୍ଷତିପୂରଣ ବାବଦରେ ୧୦ ଲକ୍ଷ ପ୍ରଦାନ ସହ ପରିବାରର ଜଣଙ୍କୁ ବନ ବିଭାଗ ପକ୍ଷରୁ ଚାକିରି ଦେବା ପାଇଁ ପ୍ରତିଶ୍ରୁତି ମିଳିବା ପରେ ମୃତକଙ୍କ ପରିବାର ଓ ଗ୍ରାମବାସୀ ଏଥିରେ ଏକ ପ୍ରକାର ସହମତି ପ୍ରକାଶ କରିଥିଲେ। ଏହାପରେ କୁଆଁରମୁଣ୍ଡା ପୋଲିସ ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଥିଲା। ଗ୍ରାମବାସୀଙ୍କ ପକ୍ଷରୁ ଜିଲା ପରିଷଦ ସଭ୍ୟ ରାଜେନ୍ଦ୍ର କୁଜୁର, ଲାଲୁ ସିଂଦେଓ, ରାଜେଶ କେରକେଟା, ସରପଞ୍ଚ ଝୁବା ଟପ୍ପୋ, ସମିତି ସଭ୍ୟ ଅଶ୍ୱିନୀ କେରକେଟା, ବିରାଧର ସିଂ ପ୍ରମୁଖଙ୍କ ସହ ଶତାଧିକ ମହିଳା/ପୁରୁଷ ଉପସ୍ଥିତ ଥିଲେ। ଗ୍ରାମବାସୀଙ୍କ ଦାବିକୁ ବୀରମିତ୍ରପୁର ବିଧାୟକ ରୋହିତ ଜୋସେଫ ତିର୍କୀ ମଧ୍ୟ ଯଥାର୍ଥ ଦର୍ଶାଇ ସମର୍ଥନ କରିଥିଲେ। ସେହିପରି ବନ ବିଭାଗ ପକ୍ଷରୁ ଡିଏଫଓ ସେଠୀ, ଏସିଏଫ୍ ସୁଜିତ ସାହୁ, କୁଆଁରମୁଣ୍ଡା ରେଞ୍ଜର ପଞ୍ଚ ନାରାୟଣ ସରାଫ ପ୍ରମୁଖ ଉପସ୍ଥିତ ଥିଲେ। ସୂଚନା ଥାଉକି, ମୃତ ସମରା କୁଆଁରମୁଣ୍ଡା ବନ ରେଞ୍ଜରେ ଠିକା କର୍ମଚାରୀଭାବେ କାର୍ଯ୍ୟ କରୁଥିଲେ। ସେ ବ୍ରାହ୍ମଣୀ ପାହାଡ଼ରେ ଲାଗିଥିବା ନିଆଁ ଲିଭାଉଥିଲା ବେଳେ ନିଜେ ଜଳି ଯାଇଥିଲେ। ନିରାପତ୍ତା ଓ ସୁରକ୍ଷା ବ୍ୟବସ୍ଥା ଢିଲା ଯୋଗୁ ତାଙ୍କର ମୃତ୍ୟୁ ହେଲା ବୋଲି ଗ୍ରାମବାସୀମାନେ ଅଭିଯୋଗ କରିଥିଲେ।

# ରାମ ବନବାସ,ଭରତ ମିଳନ ନାଟକ ମଞ୍ଚସ୍ଥ

ବାଉଁଶୁଣୀ,୧୦।୪( ଦେବାଶିଷ ନେପାକ)

ବୌଦ୍ଧ ଜିଲା ବାଉଁଶୁଣୀ ରାମଲୀଳା ନାଟ୍ୟ ସାଂସଦ ଆନୁକୂଲ୍ୟରେ ୫୯ତମ ଶ୍ରୀରାମଲୀଳା ନାଟ୍ୟ ମହୋତ୍ସବର ଚତୁର୍ଥ ରାଜନୀରେ ଭାରତ ମିଳନ ମଞ୍ଚସ୍ଥ ହୋଇଥିଲା। ଏହି ନାଟକରେ ଦଶରଥ ରାଜାଙ୍କ ମୃତ୍ୟୁ ପରେ ପତ୍ର ଦ୍ୱାରା ଭାରତ ଶତ୍ରୁଘନଙ୍କୁ ଡକାଇ ରାଜସିଂହାସନରେ ବସି ରାଜ୍ୟ ଭାର ତୁଲାଇବା ପାଇଁ ମାତା କୈକେୟୀ ଭରତକୁ କହିଥିଲେ। କିନ୍ତୁ ଏକଥାକୁ ଏଡ଼ାଇ ଭରତ ସମସ୍ତ ସୈନ୍ୟ ସାମନ୍ତ ଧରି ରାମଚନ୍ଦ୍ରଙ୍କୁ ଫେରାଇ ଆଣିବା ପାଇଁ ବନବାସ ବେଶ ଧାରଣକରି ବଣକୁ ଯାତ୍ରା କରିଥିଲେ। ଶେଷରେ ଚିତ୍ରକୂଟଠାରେ ରାମ ଓ ଭରତର ମିଳନ ହୋଇଥିଲା। ଭରତ ରାମଚନ୍ଦ୍ରଙ୍କୁ ଅଯୋଧ୍ୟା ଫେରିଯିବା ପାଇଁ ବାଧ କରିଥିଲେ। ତୃତୀୟ ଦିନରେ ରାମ ବନବାସ ନାଟକ ପର୍ଯ୍ୟବେକ୍ଷଣ ହୋଇଥିଲା। ନାଟକରେ ଦଶରଥ ଭୂମିକାରେ ହଳଧର ନାୟକ, ରାମ ଭୂମିକାରେ ମନୋଜ ପଣ୍ଡା, ଲକ୍ଷ୍ମଣ ଗିରିଶ ମେହେର, କୈକେୟୀ ଭୀମ ମେହେର, ସୁମିତ୍ରା ମନଭଞ୍ଜନ ମେସୁଆ, କୌଶଲ୍ୟା ସତ୍ୟବାନ ମେହେର, ଅନ୍ୟମାନଙ୍କ ଭିତରେ ଛବିଲ ମେହେର, ହରେକୃଷ୍ଣ ମେହେର, ଖମାପୁରୀ ମେହେର, ପୀତାମ୍ବର ମେହେର ଭିନ୍ନ ଭିନ୍ନ ଭୂମିକାରେ ଅଭିନୟ କରିଥିଲେ।




ବିଶ୍ୱ ସ୍ୱାସ୍ଥ୍ୟ ଦିବସ ଅବସରରେ ବିକାଶ ନର୍ସିଂ କଲେଜ ଛାତ୍ରୀଙ୍କ ସଚେତନତା ଶୋଭାଯାତ୍ରା।

# ବିକାଶ ନର୍ସିଂ କଲେଜରେ ବିଶ୍ୱ ସ୍ୱାସ୍ଥ୍ୟ ଦିବସ

ବରଗଡ଼,୧୦।୪(ପ୍ରେମାନନ୍ଦ ଖମାରୀ)

ବିକାଶ ହାୟର ଏଜୁକେଶନାଲ ଇନ୍‌ଷ୍ଟିଚ୍ୟୁଶନ୍ସ ଅନ୍ତର୍ଗତ ବିକାଶ ନର୍ସିଂ କଲେଜ ପକ୍ଷରୁ ବିଶ୍ୱ ସ୍ୱାସ୍ଥ୍ୟ ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ କଲେଜର ଅଧକ୍ଷା ଦୀପାଞ୍ଜଳି ପଟେଲଙ୍କ ତତ୍ତ୍ୱାବଧାନରେ ଛାତ୍ରୀଛାତ୍ରଙ୍କ ମଧ୍ୟରେ ପୋଷ୍ଟର ପ୍ରତିଯୋଗିତା ହୋଇଥିଲା। କଲେଜ ନିକଟସ୍ଥ ଆମ୍ବସଡ଼ା ଅଙ୍ଗନୱାଡ଼ି କେନ୍ଦ୍ରରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଗ୍ରାମର ସମସ୍ତ ଗର୍ଭବତୀ ମହିଳା, ସ୍ତନ୍ୟପାନ କରାଉଥିବା ମହିଳା, ନବଜାତ ଶିଶୁ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମ ପ୍ରାରମ୍ଭରେ ଆମ୍ବସଡ଼ା ଗାଁ ମୁଣ୍ଡରୁ ଏକ ସଚେତନତା ଶୋଭାଯାତ୍ରା ବାହାରି ଗ୍ରାମର ଅଙ୍ଗନୱାଡ଼ି କେନ୍ଦ୍ରରେ ପହଞ୍ଚିଥିଲା। ଏଥିରେ ବିକାଶ ନର୍ସିଂ କଲେଜର ସମସ୍ତ ଛାତ୍ରୀଛାତ୍ର ଉପସ୍ଥିତ ଥିଲେ। ବିଏସ୍‌ସି ନର୍ସିଂ ସପ୍ତମ ସେମିଷ୍ଟର ଏବଂ ଏଏନ୍‌ଏମ୍ ଦ୍ୱିତୀୟ ବର୍ଷର ଛାତ୍ରୀଛାତ୍ରମାନେ ସୁସ୍ଥ ଗର୍ଭାବସ୍ଥା, ନବଜାତ ଶିଶୁର ଯତ୍ନ ଉପରେ କ୍ଷୁଦ୍ର ନାଟକ ପରିବେଷଣ କରିଥିଲେ। ନର୍ସିଂ କଲେଜର ଅଧାପିକା ଆରାଧନା ଦିଗଲ, ସୀମାଞ୍ଜଳି ପ୍ରଧାନ, କଳ୍ପନା ପୋଢ଼ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଅଙ୍ଗନୱାଡ଼ି କର୍ମୀ ଖଗେଶ୍ୱରୀ ଭୋଇ ସହଯୋଗ କରିଥିଲେ।

# ବାପୁଜୀ ସ୍ୱତନ୍ତ୍ର ବିଦ୍ୟାଳୟରେ ବିଭିନ୍ନ କାର୍ଯ୍ୟକ୍ରମ

ବରଗଡ଼, ୧୦।୪(ପ୍ରେମାନନ୍ଦ ଖମାରୀ)

ବରଗଡ଼ସ୍ଥିତ ବାପୁଜୀ ସ୍ୱତନ୍ତ୍ର ବିଦ୍ୟାଳୟରେ ମଙ୍ଗଳବାର ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ବଧିର ବିଦ୍ୟାଳୟରେ ଅଷ୍ଟମ ଶ୍ରେଣୀର ଶୁଭାରମ୍ଭ କରାଯାଇଥିଲା। ଦୃଷ୍ଟିହୀନ, ବଧିର ଏବଂ ମାନସିକ ଦିବ୍ୟାଙ୍ଗ ବିଦ୍ୟାଳୟର ଶିକ୍ଷକ ଏବଂ ଅଭିଭାବକ ସମ୍ମିଳନୀ ତଥା ଦେବହୂତି ସ୍ମୃତି ସମ୍ମାନ ଅନୁଷ୍ଠିତ ହୋଇଥିଲା। ଉକ୍ତ ସମସ୍ତ କାର୍ଯ୍ୟକ୍ରମରେ ବରଗଡ଼ ବିଧାୟକ ଅଶ୍ୱିନୀ କୁମାର ଷଡ଼ଙ୍ଗୀ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ଡିଏସ୍‌ଏସ୍‌ଓ ତାହିର ହୁସେନ, ଦେବହୂତି ଭୋଇ ସ୍ମୃତି ସମ୍ମାନର ମୁଖ୍ୟ ଗୌର ଚନ୍ଦ୍ର ଭୋଇ, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ଡା. ଦିଲ୍ଲୀପ କୁମାର ପଣ୍ଡା, ଉପ ସଭାପତି ସୌଭାଗ୍ୟ ରଞ୍ଜନ ନାୟକ, ସମ୍ପାଦକ ଅରୁଣ କୁମାର ହୋତା, ପ୍ରଧାନ ଶିକ୍ଷକ ଅଭୟ କୁମାର ପଧାନ, କିଶୋର ଚନ୍ଦ୍ର ସାହୁ ଏବଂ ମେଘନାଦ ସାହୁ ମଞ୍ଚାସୀନ ଥିଲେ। ଉକ୍ତ କାର୍ଯ୍ୟକ୍ରମରେ ଶତାଧିକ ଅଭିଭାବକ ଯୋଗ ଦେଇ ମତାମତ ରଖିଥିଲେ। ବିଦ୍ୟାଳୟର ଭବିଷ୍ୟତ ଉନ୍ନତିମୂଳକ କାର୍ଯ୍ୟ ଉପରେ ମୁଖ୍ୟ ଅତିଥି ଗୁରୁତ୍ୱାରୋପ କରିଥିଲେ। ଅମରେଶ ଚନ୍ଦ୍ର ବାରିକଙ୍କ ସହଯୋଗରେ ଦୃଷ୍ଟିହୀନ ଛାତ୍ରୀମାନେ ପ୍ରାରମ୍ଭିକ ସଙ୍ଗୀତ ଗାନ କରିଥିଲେ।

# ଉଦ୍ୟାନ ବିଭାଗ କର୍ମଚାରୀଙ୍କ ରକ୍ତଦାନ



ଶିବିରରେ ରକ୍ତ ସଂଗ୍ରହ କରାଯାଉଛି।

ବରଗଡ,୧୦।୪(ପ୍ରେମାନନ୍ଦ ଖମାରୀ)

ଓଡ଼ିଆ ପକ୍ଷ ପାଳନର ଅଷ୍ଟମ ଦିବସ ଅବସରରେ ବରଗଡ ଜିଲାର ପୁରୁଣା ମୁଖ୍ୟ ଚିକିତ୍ସାଳୟ ସ୍ଥିତ ରକ୍ତ ଭଣ୍ଡାର ଏବଂ ଖଣ୍ଡହତାଠାରେ ଆୟୋଜିତ ରକ୍ତଦାନ ଶିବିରରେ ସମାଜର ବିଭିନ୍ନ ସ୍ତରର ଲୋକମାନେ ସ୍ୱେଚ୍ଛାକୃତ ରକ୍ତଦାନ କରିଛନ୍ତି। ଏହି ଅବସରରେ ମୋଟ ୮୫ ୟୁନିଟ ରକ୍ତ ସଂଗ୍ରହ କରାଯାଇଥିଲା। କାର୍ଯ୍ୟକ୍ରମରେ ବରଗଡ଼ ଏବଂ ପଦ୍ମପୁର ଉପଖଣ୍ଡରୁ ଉଦ୍ୟାନ ବିଭାଗ କର୍ମଚାରୀ ଓ ଚାଷୀ ଯୋଗଦେଇ ରକ୍ତଦାନ କରିଥିଲେ। ଜିଲା ମୁଖ୍ୟ କୃଷି ଅଧିକାରୀ ପ୍ରସନ୍ନ କୁମାର ମିଶ୍ର, ବରଗଡ଼ ସହକାରୀ ଉଦ୍ୟାନ କୃଷି ନିର୍ଦ୍ଦେଶକ ଗୋବିନ୍ଦ ଚନ୍ଦ୍ର ପଣ୍ଡା ଏବଂ ଉଦ୍ୟାନ ବିଭାଗର କର୍ମଚାରୀ ରାଜବାଳା ମହାପାତ୍ର, ସ୍ୱାମିନୀ ଭୋଇ, ପ୍ରମୋଦ କୁମାର ଶବର, ନିହାରକାନ୍ତ ଭୋଇ, ଯୁବରାଜ ସାମିନି, ସୁଶ୍ରୀ ଏଡଲିନ ବାରଲା, ଅଭିଜିତ କୁମାର ବିଶି, ଦୀପିକା ପାତ୍ର ଏବଂ ତାପତିମୟୀ ପଣ୍ଡା ପ୍ରମୁଖ ରକ୍ତଦାନ କରିଥିଲେ।

**ଚକୁଲିଫାର୍ମ ଚୋରି ଘଟଣା**

# ୨୪ ଘଣ୍ଟା ପରେ ପୋଲିସ ହାତ ଖାଲି

ଅତାବିରା,୧୦।୪(ଯୁଧିଷ୍ଠିର ମହାପାତ୍ର )



ସାବିତ୍ରୀଙ୍କ ଘରେ ଅତାବିରା ପୋଲିସ ତଦନ୍ତ କରୁଛି।

ବରଗଡ଼ ଜିଲା ଅତାବିରା ଥାନା ଅନ୍ତର୍ଗତ ଚକୁଲିଫାର୍ମ ସ୍ଥିତ ନୂଆଁ ଖଇରପାଲି ଗ୍ରାମର କେ. ସାବିତ୍ରୀଙ୍କ ଘରୁ ଚୋରି ଘଟଣାକୁ ଗୁରୁବାର ୨୪ ଘଣ୍ଟାରୁ ଅଧିକ ସମୟ ବିତିଥିଲେ ମଧ୍ୟ ପୋଲିସ ଦୁର୍ବୃତ୍ତଙ୍କ ଟେର ପାଇନାହିଁ। ଘର ମାଲିକାଣୀ କେ. ସାବିତ୍ରୀ ବୁଧବାର ବିଳମ୍ବିତ ରାତ୍ରିରେ ଆନ୍ଧ୍ରରୁ ନିଜ ଚକୁଲିଫାର୍ମ ଘରକୁ ଫେରିଛନ୍ତି' ତେବେ ଗତ ମଙ୍ଗଳବାର ରାତ୍ରିରେ ଚୋରି ହୋଇଥିବାବେଳେ ବୁଧବାର ଅତାବିରା ପୋଲିସ ଅନୁସନ୍ଧାନୀ କୁକୁର, ସାଇଣ୍ଟିଫିକ୍ ଦଳ ସହ ତଦନ୍ତ କରିଥିଲା। ପୋଲିସ ବିଭିନ୍ନ ଦିଗକୁ ନେଇ ତଦନ୍ତ କରୁଥିଲେ ମଧ୍ୟ ଏଯାଏ ବିଶେଷ ସଫଳତା ମିଳିପାରିନାହିଁ। ସୂଚନାଯୋଗ୍ୟ, ଚକୁଲିଫାର୍ମ ନୂଆଁ ଖଇରପାଲିର ସ୍ୱର୍ଗତ କେ. ସତ୍ୟନାରାୟଣଙ୍କ ବିଧବା ପତ୍ନୀ କେ. ସାବିତ୍ରୀ ଚିକିତ୍ସା ପାଇଁ ଆନ୍ଧ୍ର ପ୍ରଦେଶରେ ଥିଲେ। ଏହାର ସୁଯୋଗରେ ମଙ୍ଗଳବାର ରାତିରେ ତାଙ୍କ ଘରୁ ଏହି ଚୋରି ହୋଇଥିଲା। ଖବର ପାଇ ଗୁରୁବାର ସକାଳେ ସେ ନିଜ ଘରେ ପହଞ୍ଚିବା ପରେ ଅତାବିରା ଥାନାଧିକାରୀ ପ୍ରକାଶ କୁମାର କର୍ଣ୍ଣ,ଏସ୍‌ଆଇ ସସ୍ମିତା ବେହେରା ତାଙ୍କ ବାସଭବନରେ ପହଞ୍ଚି ତଦନ୍ତ କରିଛନ୍ତି। ତେବେ ଘରେ ଥିବା ୬ଗ୍ରାମ ସୁନା, ୨କେ.ଜି ରୂପା, ନଗଦ ୩୦ହଜାର ଟଙ୍କା ଓ ୨ଟି ମୋବାଇଲ ଫୋନ ସହିତ ଲକ୍ଷାଧିକ ଟଙ୍କା ଚୋରି ହୋଇଛି ବୋଲି ସାବିତ୍ରୀ କହିଛନ୍ତି। ଏ ନେଇ ଅତାବିରା ଥାନା ଆଇଆଇସି ପ୍ରକାଶ କର୍ଣ୍ଣଙ୍କୁ ପଚାରିବାରୁ ସେ କହିଲେ, ପୋଲିସ ଏହି ଘଟଣାକୁ ଗୁରୁତ୍ୱର ସହ ନେଇଛି। ଏହାର ବିଭିନ୍ନ ଦିଗକୁ ତର୍ଜମା କରାଯାଉଛି। ଘଟଣାରେ ସାଇବର ତଥ୍ୟ, ସାଇଣ୍ଟିଫିକ୍ ଟିମ୍ ଏବଂ ଡ଼ଗ୍ ମୁମେଣ୍ଟକୁ ନେଇ ତଦନ୍ତ ଜାରି ରହିଛି ବୋଲି ସେ କହିଥିଲେ ।

# ସାର୍ଟିଫିକେଟ୍ ନକଲି, ଚାକିରି ଅସଲି

ବରଗଡ଼,୧୦।୪(ପ୍ରେମାନନ୍ଦ ଖମାରୀ)



**ଏସ୍‌ଡ଼ିସିସି ବ୍ୟାଙ୍କ କର୍ମଚାରୀ ନିଯୁକ୍ତିରେ ଜାଲିଆତି**

- ଚତୁର୍ଥ ଶ୍ରେଣୀ କର୍ମଚାରୀ ନିଲମ୍ବିତ
- ନକଲି ପ୍ରମାଣପତ୍ରରେ ପଦୋନ୍ନତି
- ଆହୁରି କର୍ମଚାରୀ ବିଦା ହେବା ସମ୍ଭାବନା

ବରଗଡ଼ସ୍ଥିତ ସମ୍ବଲପୁର ଜିଲା ସମବାୟ କେନ୍ଦ୍ର (ଏସ୍‌ଡ଼ିସିସି) ବ୍ୟାଙ୍କ କର୍ମଚାରୀ ନିଯୁକ୍ତିରେ ଏକ ବଡ଼ଧରଣର ଜାଲିଆତି ଅଭିଯୋଗ ହୋଇଛି। ଅତାବିରା ବିଧାୟକ ନିହାର ରଞ୍ଜନ ମହାନନ୍ଦ ଏହି ପ୍ରସଙ୍ଗ ବିଧାନସଭାରେ ଉପସ୍ଥାପନ କରିବା ପରେ ଏହାର ଖୋଳତାଡ଼ ଆରମ୍ଭ ହୋଇଛି। ନକଲି ଶିକ୍ଷାଗତ ପ୍ରମାଣପତ୍ର ପ୍ରଦାନ କରି ଉକ୍ତ ବ୍ୟାଙ୍କରେ ଅନେକ କର୍ମଚାରୀ ଚାକିରି ହାତେଇଥିବା ଅଭିଯୋଗ ହୋଇଛି। କେବଳ ସେତିକି ନୁହେଁ, ସେଭଳି ଜାଲିଆତିରେ ସମ୍ପୃକ୍ତ ଏକାଧିକ କର୍ମଚାରୀଙ୍କ ପଦୋନ୍ନତି ମଧ୍ୟ ହୋଇସାରିଛି। ଏହି ଘଟଣାରେ ଇତିମଧ୍ୟରେ ଜଣେ ଚତୁର୍ଥ ଶ୍ରେଣୀ କର୍ମଚାରୀ (ସପୋର୍ଟିଂ ଷ୍ଟାଫ୍) କାମାକ୍ଷା ପ୍ରସାଦ ମହାନନ୍ଦଙ୍କୁ ନିଲମ୍ବିତ କରାଯାଇଥିବାବେଳେ ଅନ୍ୟ କର୍ମଚାରୀଙ୍କ ଶିକ୍ଷାଗତ ପ୍ରମାଣପତ୍ର ଯାଞ୍ଚ ଚାଲିଛି। ଯାଞ୍ଚ ପ୍ରକ୍ରିୟା ସରିବା ପରେ ଆହୁରି କର୍ମଚାରୀ ଚାକିରିରୁ ବିଦା ହେବେ ବୋଲି ଅନୁମାନ କରାଯାଉଛି।

ସୂଚନା ଅନୁଯାୟୀ, ଏସ୍‌ଡ଼ିସିସି ବ୍ୟାଙ୍କରେ କାର୍ଯ୍ୟରତ ଏକାଧିକ କର୍ମଚାରୀ ବିଭିନ୍ନ ବିଶ୍ୱବିଦ୍ୟାଳୟ ନାଁରେ ଶିକ୍ଷାଗତ ପ୍ରମାଣପତ୍ର ତଥା ଡିଗ୍ରୀ ସାର୍ଟିଫିକେଟ୍ ଦାଖଲ କରି ଚାକିରି ହାତେଇଛନ୍ତି। କାର୍ଯ୍ୟରତ ୧୭୪ କର୍ମଚାରୀଙ୍କ ଶିକ୍ଷାଗତ ପ୍ରମାଣପତ୍ର ଯାଞ୍ଚ ଚାଲିଛି। ଏଥିପାଇଁ ଏକ ସ୍ୱତନ୍ତ୍ର ଟିମ୍ ଗଠନ କରାଯାଇଛି। ସେହି ଟିମ୍ ରାଜ୍ୟ ତଥା ରାଜ୍ୟ ବାହାରେ ରହିଥିବା ବିଭିନ୍ନ ବିଶ୍ୱବିଦ୍ୟାଳୟକୁ ଶିକ୍ଷାଗତ ପ୍ରମାଣପତ୍ରର ଯାଞ୍ଚ ପାଇଁ ଯାଇଥିବା ସୂଚନା ମିଳିଛି। ଉକ୍ତ ବିଶ୍ୱବିଦ୍ୟାଳୟ ଗୁଡ଼ିକରେ ପ୍ରମାଣପତ୍ର ଯାଞ୍ଚ ପରେ ଆଉ କେଉଁ କର୍ମଚାରୀ ନକଲି ଶିକ୍ଷାଗତ ପ୍ରମାଣପତ୍ର ପ୍ରଦାନ କରି ଚାକିରି ହାତେଇଛନ୍ତି ତାହା ସ୍ପଷ୍ଟ ହୋଇଯିବ।

ଏ ସମ୍ପର୍କରେ ଉକ୍ତ ବ୍ୟାଙ୍କର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ(ସିଇଓ) ଭକ୍ତେଶ୍ୱର ମଲ୍ଲିକ କହିଛନ୍ତି, ବ୍ୟାଙ୍କରେ ନକଲି ଶିକ୍ଷାଗତ ପ୍ରମାଣପତ୍ର ଦାଖଲ କରି କର୍ମଚାରୀଙ୍କୁ ନିଯୁକ୍ତି ଦିଆଯାଇଥିବା ଅଭିଯୋଗ ମିଳିବା ପରେ ଏହାର ତଦନ୍ତ ପ୍ରକ୍ରିୟା ଚାଲିଛି। ବ୍ୟାଙ୍କରେ କାର୍ଯ୍ୟରତ ୧୭୪କର୍ମଚାରୀଙ୍କ ମଧ୍ୟରୁ ୯୩ଜଣଙ୍କ ଶିକ୍ଷାଗତ ପ୍ରମାଣପତ୍ର ଯାଞ୍ଚ ଶେଷ ହୋଇଛି। ମାସକ ମଧ୍ୟରେ ଅବଶିଷ୍ଟ କର୍ମଚାରୀଙ୍କ ଯାଞ୍ଚ ସରିଯିବ। ଯାଞ୍ଚରେ ଯେଉଁ କର୍ମଚାରୀଙ୍କ ଶିକ୍ଷାଗତ ପ୍ରମାଣପତ୍ର ନକଲି ବୋଲି ଜଣାପଡ଼ିଲା, ତାଙ୍କ ବିରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ସେ କହିଛନ୍ତି। ସେହିପରି ସୋମବାର ସମବାୟ ମନ୍ତ୍ରୀ ପ୍ରଦୀପ ବଳ ସାମନ୍ତ ବରଗଡ଼ ଗସ୍ତରେ ଆସିଥିବାବେଳେ ଏ ସମ୍ପର୍କରେ ପଚାରିବାରୁ ଏଭଳି ଜାଲିଆତି ଘଟଣାରେ କାହାକୁ ଛଡ଼ାଯିବ ନାହିଁ। ସବୁ ମୂଷା ଯନ୍ତାରେ ପଡ଼ିବେ ବୋଲି ସେ କହିଥିଲେ।

**ଭାରତୀୟ ଯୋଗ ସଂସ୍ଥାନି ପ୍ରତିଷ୍ଠା ଦିବସ**

ସମ୍ବଲପୁର,(ଭବାନୀ ଶଙ୍କର ଭୋଇ): ଭାରତୀୟ ଯୋଗ ସଂସ୍ଥାନର ପ୍ରତିଷ୍ଠା ଉତ୍ସବ ଗୁରୁବାର ଭାମଭୋଇ ନଗର ସ୍ଥିତ ଉଦ୍ୟାନରେ ଅନୁଷ୍ଠିତ ହୋଇଯାଇଛି। ଏହି ଉତ୍ସବରେ ଓଡିଶା ପ୍ରାନ୍ତର ଉପ ପ୍ରଧାନ ପ୍ରାଣବନ୍ଧୁ ବେହେରା ସଭାପତିତ୍ୱ କରିଥିଲେ। ଲରମ୍ବା ମହାବିଦ୍ୟାଳୟ ପୂର୍ବତନ ଅଧ୍ୟକ୍ଷ ଡ. ନରେନ୍ଦ୍ର କୁମାର ବେହେରା ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ଯୋଗ ମଣିଷକୁ ଶାରୀରିକ ମାନସିକ ତଥା ଆଧ୍ୟାତ୍ମିକ ଲାଭ ଦେଉଥିବା ବକ୍ତାମାନେ ମତ ଦେଇଥିଲେ। ଉତ୍ସବରେ ବିଭିନ୍ନ ଆସନ ଏବଂ ପ୍ରାଣାୟମ ଅଭ୍ୟାସ କରାଯାଇଥିଲା।ଶେଷରଯୋଗକ୍ଷେତ୍ରରଉପଦେଷ୍ଟାଅନୁପକୁମାରଅଗ୍ରୱାଲଧନ୍ୟବାଦଅର୍ପଣକରିଥିଲେ।କ୍ଷେତ୍ରସଙ୍ଗଠନମନ୍ତ୍ରୀଶିବାନୀ ସୁନାକାର୍ଯ୍ୟକ୍ରମପରିଚାଳନାକରିଥିଲେ।

# ସମଲେଇ ପୀଠରୁ ଆଜ୍ଞାମାଳ ଆସିଲା

ସମ୍ବଲପୁର,୧୦।୪(ବି.ଶଙ୍କର)



ଦେବୀ ସମଲେଇଙ୍କ ଆଜ୍ଞାମାଳ ନେଇ ସମ୍ବଲପୁର ହନୁମାନ ଜୟନ୍ତୀ ସମନ୍ୱୟ ସମିତି କର୍ମକର୍ତ୍ତାମାନେ ଆସୁଛନ୍ତି।



ସମଲେଇ ମନ୍ଦିର ପରିସରରେ ଗୁରୁବାର ରାତିରେ ବାଳିକା ଓ ବାଳକ ମଧ୍ୟରେ ଆଖଡା ଖେଳ।

ବୈଶାଖ କୃଷ୍ଣପକ୍ଷ ଦ୍ୱିତୀୟ ମହାବିଷୁବ ସଂକ୍ରାନ୍ତି ତିଥିରେ ବୀର ହନୁମାନଙ୍କ ଜୟନ୍ତୀ ସମ୍ବଲପୁରରେ ପାଳିତହେବ। ଏହାକୁ ଦୃଷ୍ଟିରେ ରଖି ସମ୍ବଲପୁର ସହର ଗୈରିକ ଧ୍ୱଜାରେ ସଜ୍ଜିତ ହୋଇଛି। ପଥ ପ୍ରାନ୍ତ ସଭାରେ ପ୍ରଭୁଶ୍ରୀ ରାମଚନ୍ଦ୍ରଙ୍କ ପ୍ରତି ହନୁମାନଙ୍କ ପରାକାଷ୍ଠ ଭକ୍ତି ବିଷୟରେ ଭକ୍ତମାନଙ୍କୁ ସୂଚିତ କରାଯାଇଛି । ଭ୍ରାମ୍ୟମାଣ ହନୁମାନଙ୍କ ରଥରେ ସଂଯୁକ୍ତ ଡାକବାଜିରେ ହନୁମାନଙ୍କ ସଙ୍ଗୀତ ସହରକୁ ଗୁଞ୍ଜରିତ କରିଛି । ଗୁରୁବାର ରାତି ୭ଟାରେ ସମଲେଶ୍ୱରୀ ମନ୍ଦିର ପରିସରରେ ସମ୍ବଲପୁର ହନୁମାନ ଜୟନ୍ତୀ ସମନ୍ୱୟ ସମିତି ଆୟୋଜନରେ ରୀତିନୀତି ଓ ପରମ୍ପରାନୁସାରେ ଆଜ୍ଞାମାଳ ଏବଂ ଆଖଡା ଓସ୍ତାଦ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମ ସମ୍ପନ୍ନ ହୋଇଛି । ସମଲେଶ୍ୱରୀ ମନ୍ଦିର ମୁଖ୍ୟ ପୂଜକ ଅମ୍ବିକା ପ୍ରସାଦ ରାୟ ଦେବୀ ସମଲେଇଙ୍କଠାରେ ହନୁମାନ ଜୟନ୍ତୀ ସକାଶେ ସ୍ୱତନ୍ତ୍ର ପୂଜାର୍ଚ୍ଚନା କରିଥିଲେ । ସ୍ୱତନ୍ତ୍ର ପୂଜାର୍ଚ୍ଚନା କାର୍ଯ୍ୟକ୍ରମରେ ହନୁମାନ ଜୟନ୍ତି ସମନ୍ୱୟ ସମିତି କର୍ମକର୍ତ୍ତାମାନେ ସାମିଲ ହୋଇଥିଲେ। ଏହାପରେ ସହର ବିଭିନ୍ନ ଅଞ୍ଚଳରୁ ସମବେତ ହୋଇଥିବା ଆଖଡା ଦଳର ସଭ୍ୟମାନେ ପାରମ୍ପରିକ ଆଖଡା ପ୍ରଦର୍ଶନ କରିଥିଲେ । କଡକଡି ବାଦ୍ୟର ତାଳରେ ତାଳ ଦେଇ ଶିଶୁ, ବାଳିକା,ବାଳକ, ମହିଳା ଓ ପୁରୁଷମାନେ ନିଆର ଢ଼ଙ୍ଗରେ ଦୁଃସାହିକ ଆଖଡା ପ୍ରଦର୍ଶନ କରି ଉପସ୍ଥିତ ଭକ୍ତମାନଙ୍କୁ ବିଭୋର କରିଥିଲେ । ଏହାପରେ ଆଖଡା ଓସ୍ତାଦ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମ ହୋଇଥିଲା। ହନୁମାନ ଜୟନ୍ତୀ ସମନ୍ୱୟ ସମିତି ସଭାପତି ତଥା ବିଧାୟକ ଜୟନାରାୟଣ ମିଶ୍ର ପୁଷ୍ପଗୁଚ୍ଛ ଓ ଉତ୍ତରିୟ ପ୍ରଦାନ ପୂର୍ବକ ସମ୍ବର୍ଦ୍ଧିତ କରିଥିଲେ ।

ଏଥିସହ ଚଳିତ ମାସ ୧୪ ତାରିଖରେ ହେବାକୁ ଥିବା ବୀର ହନୁମାନ ଜୟନ୍ତୀ ପାଇଁ ଇଷ୍ଟଦେବୀ ସମଲେଶ୍ୱରୀଙ୍କ ଆଜ୍ଞା ମାଳ ନେଇ ଆଖଡା ଦଳଙ୍କୁ ନିଉତା ନିଆଯାଇଥିଲା। ସମସ୍ତଙ୍କ ହନୁମାନ ଜୟନ୍ତୀର ଭବ୍ୟ ଓ ଦିବ୍ୟ ଶୋଭାଯାତ୍ରାରେ ସାମିଲ ହେବା ପାଇଁ ନିମନ୍ତ୍ରଣ ଦିଆଗଲା । ଆଖଡା ଓସ୍ତାଦ ସୁରେନ୍ଦ୍ର ନାଏକ, ପଞ୍ଚାନନ ରାଏ, ଭାଗ୍ୟବର ପାଣ୍ଡେ, କାର୍ତ୍ତିକ ସାହୁ, ଆନନ୍ଦି ବେହେରା, ବିଜୁ ସେଠ, ସୁବ୍ରତ ତରିଆ, ସୋମନାଥ ପଟ୍ଟନାୟକ, ସଞ୍ଜିବ ବାଗ, ଯୋଗେଶ ବହିଦାର, ଲକ୍ଷ୍ମଣ ଖାତି, ପଞ୍ଚା ମେହେର, କଳ୍ପନା କିଷାନ, ରିଙ୍କି ଲୁହାର, ଅମିତ ସୋନି, ରଘୁ ବେହେରା, ଜିତେନ୍ଦ୍ର ଜାଲ, ପ୍ରଦୀପ ଜୟସୱାଲ ପ୍ରମୁଖଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ହନୁମାନ ଜୟନ୍ତୀ ସମନ୍ୱୟ ସମିତି ସାଧାରଣ ସମ୍ପାଦକ ରାଜୀବ ଶତପଥୀ, ମୁଖ୍ୟ ସଂଯୋଜକ ଜୟବ୍ରତ ଦେଙ୍କ ସମେତ ଗୋବିନ୍ଦ ଅଗ୍ରୱାଲ, ଅନିଲ ବେହେରା, ଡ.ପ୍ରମୋଦ ରଥ, ସୁଶାନ୍ତ ପୁରୋହିତ, ମାନସ ରଞ୍ଜନ ବକ୍ସି, ଆଶିଷ ବାବୁ, ଅନୁପ ତରିଆ, ରାମଦାଶ ପଣ୍ଡା, ରାମଚନ୍ଦ୍ର ମେହେର, ଅନୁପ ଲାଟା, ପ୍ରଭୁଦତ୍ତ ପଣ୍ଡା, ରୋଟିସ ଦେ, ସୀତାକାନ୍ତି ମେସୁଆ, କଞ୍ଚାନ ଲୁହା ପ୍ରମୁଖ କାର୍ଯ୍ୟକ୍ରମରେ ସାମିଲ ଥିଲେ । ଅପରପକ୍ଷେ ହନୁମାନ ଜୟନ୍ତୀରେ ସାମିଲ ହେବା ପାଇଁ ନିଉତା ପ୍ରଦାନ କରିବା ପାଇଁ ନିଉତା ଶୋଭାଯାତ୍ରା ସମଲେଶ୍ୱରୀ ମନ୍ଦିର ପ୍ରାଙ୍ଗଣଠାରୁ ବାହାରି ଦଳେଇପଡାଠାରେ ଶେଷ ହୋଇଥିଲା । ଶୋଭାଯାତ୍ରାରେ ଦୁଲଦୁଲ ଓ କଡକଡି ବାଦ୍ୟ ସାମିଲ ହୋଇଥିଲା । ନିଉତା ଶୋଭାଯାତ୍ରା ସମୟରେ ଯୁବତୀ ଯୁବକମାନେ ବିଭିନ୍ନ ଛକଗୁଡିକରେ ଆଖଡା ପ୍ରଦର୍ଶନ କରିଥିଲେ।

- ୧୪ ତାରିଖରେ ହନୁମାନ ଜୟନ୍ତୀ
- ଆଖଡା ଓସ୍ତାଦଙ୍କୁ ସମ୍ବର୍ଦ୍ଧନା
- ଯାତ୍ରାରେ ସାମିଲ ହେବାକୁ ନିଉତା ପ୍ରଦାନ

## ଭିସୁଟ୍‌ରେ ବାର୍ଷିକ ବୈଷୟିକ ଆଲୋଚନାଚକ୍ର

ସମ୍ବଲପୁର,୧୦।୪(ପ୍ରମୋଦ ବହିଦାର)

ବୁର୍ଲାସ୍ଥିତ ବୀର ସୁରେନ୍ଦ୍ର ସାଏ ବୈଷୟିକ ବିଶ୍ୱବିଦ୍ୟାଳୟ(ଭିସୁଟ୍)ର ବୈଦ୍ୟୁତିକ ଓ ଇଲେକ୍ଟ୍ରୋନିକ୍ସ ଇଞ୍ଜିନିୟରିଂ(ଇଇଇ) ବିଭାଗରେ ଗୁରୁବାର 'ସ୍ପେକ୍ଟ୍ରମ-୨୦୨୫' ଶୀର୍ଷକ ବାର୍ଷିକ ବୈଷୟିକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। ଭିସୁଟ୍ ଇ-ଲର୍ନିଂ ସେଣ୍ଟରରେ ଗୁରୁବାର ପୂର୍ବାହ୍ନରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥିଭାବେ ଯୋଗଦେଇ ଟିପିଡବ୍ଲ୍ୟୁଓଡିଏଲ୍‌ର ସର୍ବୋଚ୍ଚ ଯନ୍ତ୍ରୀ ତଥା କାର୍ଯ୍ୟ ସମ୍ପାଦନ ମୁଖ୍ୟ ଇଂ. ଆଶିଷ ପାଟଯୋଷୀ ନିଜ ବକ୍ତବ୍ୟରେ ଆଧୁନିକ ବିଦ୍ୟୁତ ଶକ୍ତି ବଣ୍ଟନ ବ୍ୟବସ୍ଥା ଉପରେ ଆଲୋକପାତ କରିଥିଲେ। ସେହିପରି ନବସୃଜନ ବୈଷୟିକ ଜ୍ଞାନର ପ୍ରୟୋଗରେ କ୍ରମବର୍ଦ୍ଧିଷ୍ଣୁ ବିଦ୍ୟୁତଶକ୍ତିର ଆବଶ୍ୟକତା ପୂରଣ ଉପରେ ଗୁରୁତ୍ୱାରୋପ କରିଥିଲେ। ଏହି ଅବସରରେ ଭାରପ୍ରାପ୍ତ କୁଳପତି ପ୍ରଫେସର ବି.ବି. ପତି, ଭାରପ୍ରାପ୍ତ ବିଭାଗୀୟ ମୁଖ୍ୟ ପ୍ରଫେସର ଏଚ କେ. ସାହୁ, କାର୍ଯ୍ୟକ୍ରମ ମୁଖ୍ୟ ଡ. ଶାନ୍ତି ବେହେରା, ଇଇଇ ସୋସାଇଟିର ଫାକଲ୍ଟି ପରାମର୍ଶଦାତା ପ୍ରଫେସର ଆର.କେ.ସାହୁ, ଇଂ. ପି କେ ପରିଡାଙ୍କ ଉପସ୍ଥିତିରେ 'ସ୍ପେକ୍ଟ୍ରମ୍ କନେକ୍ଟ' ତୃତୀୟ ସଂସ୍କରଣର ବାର୍ଷିକ ବୈଷୟିକ ପତ୍ରିକା ଉନ୍ମୋଚିତ ହୋଇଥିଲା। ଏହି କାର୍ଯ୍ୟକ୍ରମକୁ ଇଇଇ ସୋସାଇଟିର ସମ୍ପାଦକ ନୌମିସ୍ ରାଣା ଓ ସ୍ପେକ୍ଟ୍ରମ୍ ସମ୍ପାଦକ ଦେବାଶିଷ ପାତ୍ରଙ୍କୁ ସଂଯୋଜନା କରିଥିଲେ। ଏଥିରେ ସାମ୍ପ୍ରତିକ ପରିସ୍ଥିତିରେ ସମଗ୍ର ବିଶ୍ୱ କୃଷି, ଯୋଗାଯୋଗ ବ୍ୟବସ୍ଥା ଓ ନବୀକରଣୀୟ ଶକ୍ତି କ୍ଷେତ୍ରରେ ସମ୍ମୁଖୀନ ହେଉଥିବା ବିଭିନ୍ନ ଆହ୍ୱାନର ସମାଧାନ ସ୍ୱରୂପ ବିଭାଗୀୟ ଛାତ୍ରୀଛାତ୍ରମାନଙ୍କ ଦ୍ୱାରା ପ୍ରଦର୍ଶିତ ପ୍ରକଳ୍ପ ବିଶେଷ ଆକର୍ଷଣୀୟ ହୋଇଥିଲା। କାର୍ଯ୍ୟକ୍ରମେ ଭିସୁଟ୍ ଇଇଇ ବିଭଗର ସମସ୍ତ ଅଧ୍ୟାପିକା, ଅଧ୍ୟାପକ, ଫାକଲ୍ଟି ସଦସ୍ୟ ଓ ଛାତ୍ରୀଛାତ୍ର ଉପସ୍ଥିତ ଥିଲେ।

## ବୃକ୍ସହିଲ୍‌ରେ ପରିବେଶ ସୁରକ୍ଷା କାର୍ଯ୍ୟକ୍ରମ




ପରିବେଶ ସୁରକ୍ଷା କାର୍ଯ୍ୟକ୍ରମରେ ଅତିଥି, ଶିକ୍ଷୟିତ୍ରୀମାନଙ୍କ ସହିତ ଛାତ୍ରୀଛାତ୍ର।

ସମ୍ବଲପୁର,୧୦।୪(ପ୍ରମୋଦ ବହିଦାର)

ସମ୍ବଲପୁର ବୃକ୍ସହିଲ୍‌ସ୍ଥିତ ବାଲିବନ୍ଧା ଉଚ୍ଚ ବାଳିକା ବିଦ୍ୟାଳୟ ଓ ବୃକ୍ସହିଲ୍ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ପରିବେଶ ସୁରକ୍ଷା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସ୍ୱେଚ୍ଛାସେବୀ ଅନୁଷ୍ଠାନ ସମର୍ପଣ ଆନୁକୂଲ୍ୟରେ ସଂଯୋଜକ ରାଧେଶ୍ୟାମ ପଣ୍ଡାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ସୁଜିତ ପାଣିଗ୍ରାହୀ ଅତିଥିଭାବେ ଯୋଗଦାନ କରିଥିଲେ। ସେ ତାଙ୍କ ବକ୍ତବ୍ୟରେ ନିର୍ମଳ ଓ ପ୍ରଦୂଷଣମୁକ୍ତ ପରିବେଶ ସୃଷ୍ଟି ପାଇଁ ବ୍ୟାପକ ବୃକ୍ଷରୋପଣର ଆବଶ୍ୟକତା ରହିଛି ବୋଲି କହିଥିଲେ। ବାଳିକା ଉଚ୍ଚ ବିଦ୍ୟାଳୟ ପ୍ରଧାନ ଶିକ୍ଷୟିତ୍ରୀ ରଞ୍ଜିତା ହୋତା କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଏଥିରେ ବାଲିବନ୍ଧା ବାଳିକା ଉଚ୍ଚ ବିଦ୍ୟାଳୟର ୫୦ଜଣ ଓ ବୃକ୍ସହିଲ୍ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ୧୫୦ ଛାତ୍ରୀଛାତ୍ର ଅଂଶଗ୍ରହଣ କରିଥିଲେ। ଏହି ଅବସରରେ ଛାତ୍ରୀଛାତ୍ରଙ୍କ ମଧ୍ୟରେ ପରିବେଶ ସମ୍ପର୍କିତ ବୃକ୍ଷଲତା ଚିତ୍ରାଙ୍କନ ଓ ଜଣାଅଜଣା ଶୀର୍ଷକ ପ୍ରବନ୍ଧ ଲିଖନ ପ୍ରତିଯୋଗିତା ହୋଇଥିଲା। ଏହାକୁ ବୃକ୍ସହିଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପ୍ରଧାନ ଶିକ୍ଷୟିତ୍ରୀ କୁନ୍ତିରଣୀ କଚ୍ଛପ ପରିଚାଳନା କରିଥିଲେ। କାର୍ଯ୍ୟକ୍ରମ ଆୟୋଜନରେ ଟିକେଶ୍ୱର ପ୍ରଧାନ, ଆଲୋକ କୁମାର ଦାସ, ଶିକ୍ଷୟିତ୍ରୀ ସନ୍ଧ୍ୟାରାଣୀ ପୃଷ୍ଟି, ସୁନିତା ପ୍ରଧାନ, ହେମଲତା ସାହୁ, ରିତାଞ୍ଜଳି ସାହୁ, ରଚନା ସିଂ, ମିନାକ୍ଷୀ ପଣ୍ଡା, ସତମାନ ବାଗ, ଶମ୍ଭୁ ମହାନନ୍ଦ ସହଯୋଗ କରିଥିଲେ।

## ଜଳଭଣ୍ଡାରରେ ବୁଡ଼ି ଭିସୁଟ୍ ଛାତ୍ରୀଙ୍କ ମୃତ୍ୟୁ

ସମ୍ବଲପୁର,୧୦।୪(ପ୍ରମୋଦ ବହିଦାର)

**ବୁଡ଼ି ଯାଉଥିବା ସାଥୀଙ୍କୁ ଉଦ୍ଧାର କରିବାକୁ ପାଣିକୁ ଡେଇଁଥିଲେ**



ଶାଶ୍ୱତୀ ଭୋଇ।

ମାସେ ନ ପୂରୁଣୁ ଭିସୁଟରେ ପୁଣି ଅଘଟଣ। ହୀରାକୁଦ ଜଳଭଣ୍ଡାରର ଫିସେରି ପଏଣ୍ଟରେ ପାଣିରେ ବୁଡ଼ି ଜଣେ ଛାତ୍ରୀଙ୍କ ମୃତ୍ୟୁ ଘଟିଛି। ସେ ହେଉଛନ୍ତି ଇଲେକ୍ଟ୍ରିକାଲ ଇଞ୍ଜିନିୟରିଂ ବିଭାଗର ଶେଷ ବର୍ଷ ଛାତ୍ରୀ ତଥା ବରଗଡ଼ ନିବାସୀ ପୃଥ୍ୱୀରାଜ ଭୋଇଙ୍କ ଝିଅ ଶାଶ୍ୱତୀ ଭୋଇ(୨୦)। ସେ ବୁଡି ଯାଉଥିବା ନିଜ ସାଥୀଙ୍କୁ ବଞ୍ଚାଇବାରେ ସକ୍ଷମ ହୋଇଥିଲେ ହେଁ ନିଜେ ବୁଡି ଯାଇଥିଲେ ବୋଲି ତାଙ୍କ ସହପାଠୀମାନେ କହିଛନ୍ତି।

ସୂଚନା ଅନୁସାରେ ଗୁରୁବାର ଅପରାହ୍ନ ପ୍ରାୟ ସାଢ଼େ ୫ଟାରେ ଶାଶ୍ୱତୀ ତାଙ୍କର ଅନ୍ୟ ୭ ଜଣ ସହପାଠୀଙ୍କ ସହ ଏକ ଅଟୋରେ ଗାଧୋଇବା ପାଇଁ ହୀରାକୁଦ ଜଳଭଣ୍ଡାରର ଫିସେରି ପଏଣ୍ଟକୁ ଯାଇଥିଲେ। ସେଠାରେ ଗାଧୋଇବା ସମୟରେ ପୂରବୀ ନାମ୍ନୀ ଜଣେ ସହପାଠୀ ହଠାତ ଗଭୀର ପାଣି ଭିତରକୁ ଚାଲି ଯାଇଥିଲେ। ତାଙ୍କୁ ଉଦ୍ଧାର କରିବାକୁ ଶାଶ୍ୱତୀ ଉଦ୍ୟମ କରିଥିଲେ। ହେଲେ ସେ ମଧ୍ୟ ପାଣିରେ ବୁଡ଼ି ଯାଇଥିଲେ। ଏହା ଦେଖି ଅନ୍ୟ ସହପାଠୀମାନେ ନିକଟରେ ଥିବା କେତେକ ସ୍ଥାନୀୟ ଯୁବକଙ୍କୁ ଡାକିଥିଲେ। ସେମାନେ ପ୍ରଥମେ ପୂରବୀଙ୍କୁ ଉଦ୍ଧାର କରିଥିଲେ। ଶାଶ୍ୱତୀଙ୍କୁ ଅତ୍ୟନ୍ତ ଗୁରୁତର ଅବସ୍ଥାରେ ଉଦ୍ଧାର କରି ଭିମସାର ପଠାଯାଇଥିଲା। ମାତ୍ର ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଖବରପାଇ ବୁର୍ଲା ପୋଲିସ ଡାକ୍ତରଖାନାରେ ପହଞ୍ଚି ମୃତଦେହ ଜବତ କରି ପରିବାର ଲୋକଙ୍କୁ ଖବର ଦେଇଥିଲା। ଏହାକୁ ନେଇ ବୁର୍ଲା ଥାନାରେ ଏକ ଅପମୃତ୍ୟୁ ମାମଲା ରୁଜୁ କରି ପୋଲିସ ଘଟଣାର ତଦନ୍ତ କରୁଛି।

## ନିରବଚ୍ଛିନ୍ନ ସାଧନା ସଫଳତାର ବାଟ

ସମ୍ବଲପୁର,୧୦।୪(ଭବାନୀ ଶଙ୍କର ଭୋଇ)

**ସେବା ପକ୍ଷରୁ ଶିବଶଙ୍କର ପ୍ରଧାନଙ୍କ ଜନ୍ମଦିନ ପାଳନ**

ସେବା ସାମାଜିକ ସଙ୍ଗଠନ ପକ୍ଷରୁ ଗୀତିକାର ଶିବଶଙ୍କର ପ୍ରଧାନଙ୍କ ଜନ୍ମଦିନକୁ ଗୁରୁବାର ନିଆରା ଢଙ୍ଗରେ ପାଳନ କରାଯାଇଥିଲା। ସଙ୍ଗଠନ ସଭାପତି ଦୀପକ ପାଣ୍ଡେଙ୍କ ପୌରୋହିତ୍ୟ ଓ ମୁଖ୍ୟ ଉପଦେଷ୍ଟା ନିହାଲ ସିଂଙ୍କ ତତ୍ତ୍ୱାବଧାନରେ ଏହି ସାଂସ୍କୃତିକ ସମାରୋହ ହୋଇଥିଲା। କାର୍ଯ୍ୟକ୍ରମକୁ କ୍ଷେତ୍ରମଣି ବିଭାର ଓ ଛନ୍ଦାମୟୀ ମିଶ୍ର ପରିଚାଳନା କରିଥିଲେ। ପଦ୍ମଶ୍ରୀ ଡକ୍ଟର ଜିତେନ୍ଦ୍ର ହରିପାଲ ମୁଖ୍ୟ ଅତିଥି, ସମ୍ମାନିତ ଅତିଥିଭାବେ ଆକାଶବାଣୀ ସମ୍ବଲପୁର କେନ୍ଦ୍ର କାର୍ଯ୍ୟକ୍ରମ ସଂଯୋଜକ ସନ୍ତୋଷ ପିଙ୍କ, କବି ତଥା ସାହିତ୍ୟିକ ମାହେଶ୍ୱରୀ ପାଣିଗ୍ରାହୀ, ଦିଲୀପ ବାଗ, ସଙ୍ଗୀତକାର ରତନ ପୂଜାରୀ, ତ୍ରିବିକ୍ରମ ସାହୁ, ହାସ୍ୟ ଅଭିନେତା ବିନ୍ଦୁ, ସନତ ସାହୁ, ଦୁର୍ଗା ଦାସ,ଲକ୍ଷ୍ମୀଧର ମହାନ୍ତି ଉପସ୍ଥିତ ଥିଲେ। ନିରବଚ୍ଛିନ୍ନ ସାଧନା ହି ସଫଳତାର ବାଟ ବୋଲି ଶିବଶଙ୍କରଙ୍କ ଜୀବନର ଅନୁଭୂତିରୁ ଅତିଥିମାନେ ବକ୍ତବ୍ୟ ରଖିଥିଲେ। କବି, ଗୀତିକାର, ସଙ୍ଗୀତକାର, କଣ୍ଠଶିଳ୍ପୀ, ଅଭିନେତା ଶିବଶଙ୍କର ପ୍ରଧାନ ମହୁଲ ଝାରେ ବରସିଲା ପାନ ଭଳି ଲୋକପ୍ରିୟ ଗୀତର ଗୀତିକାରଭାବେ ବେଶ ପରିଚିତ ଚେହେରା ହେବା ସହ ସମ୍ବଲପୁରୀ ଭାଷାର ଜଣେ କବି। ସମ୍ବଲପୁରୀ ଭାଷା ସାହିତ୍ୟର ପ୍ରଚାର କ୍ଷେତ୍ରରେ ତାଙ୍କର ଅବଦାନ ଅତୁଳନୀୟ। ସେଥିପାଇଁ ତାଙ୍କୁ ଉତ୍ସାହିତ କରିବା ସହ ତାଙ୍କର ସଂଘର୍ଷମୟ ଜୀବନରୁ ପ୍ରେରଣା ନେବା ପାଇଁ ଏହି କାର୍ଯ୍ୟକ୍ରମର ଆୟୋଜନ କରାଯାଇଥିଲା। ଏହି ଅବସରରେ ସମ୍ବଲପୁର ଜିଲା ସମେତ ବରଗଡ, ବୌଦ୍ଧ, ସୁବର୍ଣ୍ଣପୁର, ଝାରସୁଗୁଡ଼ା, ବଲାଙ୍ଗୀର ଜିଲା ସମେତ ପଶ୍ଚିମ ଓଡ଼ିଶାର ବହୁ କବି ତଥା କଳାକାର ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମ ମଞ୍ଚରେ ତାଙ୍କର ଲୋକପ୍ରିୟ ସଙ୍ଗୀତଗୁଡ଼ିକ ପରିବେଷଣ କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ବିଶିଷ୍ଟ କଳାକାର ଶତୃଘ୍ନ ଲୁହା, ଦିଲିପ ବାଗ, ଗୀତାଞ୍ଜଳି ପୌଡ, ରମେଶ ସୁନା ପ୍ରମୁଖ ମଞ୍ଚରେ ଶିବଶଙ୍କର ପ୍ରଧାନଙ୍କ ପ୍ରସିଦ୍ଧ ଗୀତଗୁଡ଼ିକ ପରିବେଷଣ କରିଥିଲେ। ଶେଷରେ ସେବା ଉପସଭାପତି ମୋମିନା ଖାତୁନ ଧନ୍ୟବାଦ ଅର୍ପଣ କରିଥିଲେ।

## ଓଡ଼ିଆ ପକ୍ଷ ପାଳନ, ରକ୍ତଦାନ ଶିବିର

କୁଚିଣ୍ଡା,୧୦।୪(ବିରଞ୍ଚି ଦର୍ଜୀ)




ରକ୍ତଦାନ ଶିବିରରେ କଲେଜ ଅଧ୍ୟକ୍ଷ ଓ ଅନ୍ୟମାନେ।

ସମ୍ବଲପୁର ଜିଲା ବାମରା ବ୍ଲକ ଅନ୍ତର୍ଗତ କେଶାଇବାହାଲ ବାସୁଦେବ ଗୋଦାବରୀ ଡ଼ିଗ୍ରୀ କଲେଜରେ ଗୁରୁବାର ଓଡ଼ିଆ ପକ୍ଷ ପାଳନ ଅବସରରେ ଏକ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଅଧ୍ୟକ୍ଷ ଦୟାସାଗର ପ୍ରଧାନ ଏଥିରେ ଅଧ୍ୟକ୍ଷତା କରି ଓଡ଼ିଆ ପକ୍ଷ ପାଳନର ମହତ୍ତ୍ୱ ଉପରେ ଆଲୋଚନା କରିଥିଲେ। ଆସ ବହିଟିଏ କିଣିବା ଦିବସ ପାଳନ ପୂର୍ବକ ଛାତ୍ରୀଛାତ୍ର ବହି କିଣି ଅଧ୍ୟୟନ କରିବା ପାଇଁ ସେ ପରାମର୍ଶ ଦେଇଥିଲେ । ଅଧ୍ୟାପକ ବିନୋଦ ବିହାରୀ ପୃଷେଠ ଓଡ଼ିଆ ପକ୍ଷ ପାଳନର ଉଦ୍ଦେଶ୍ୟରେ ବକ୍ତବ୍ୟ ରଖି ଜିଲାସ୍ତରୀୟ ଯୁବ ଲେଖକ ସମ୍ମିଳନୀ ପ୍ରତିଯୋଗିତାରେ ଦ୍ୱିତୀୟ ବର୍ଷ ବିଜ୍ଞାନ ଛାତ୍ରୀ ପୂଜା ଡିଲା ସାମିଲ ହୋଇ କଲେଜର ଗୌରବ ବୃଦ୍ଧି କରିଥିବା କହିଥିଲ। ପରେ ଯୁବ ରେଡକ୍ରସ ସଂଯୋଜକ ହରେଶ କୁମାର ସାହୁ ରକ୍ତଦାନ କରି ପୁଣ୍ୟ ଅର୍ଜ୍ଜନ କରିବାକୁ ପରାମର୍ଶ ଦେଇଥିଲେ। ଯୁବ ରେଡକ୍ରସ ଓ ଜାତୀୟ ସେବା ଯୋଜନା ସ୍ୱେଚ୍ଛାସେବୀମାନଙ୍କ ଦ୍ୱାରା ୪୩ ୟୁନିଟ ରକ୍ତ ସଂଗୃହୀତ ହୋଇଥିଲା। ଏଥିରେ ଅଧ୍ୟାପକ ମଳୟ ବୁଡା, ବିକାଶ ପାଣି, ନରେନ୍ଦ୍ର ଟପ୍ପୋ, ବୈଶାଳୀ ବେହେରା ସହଯୋଗ କରିଥିଲେ।

## ଆର୍‌ଏମ୍‌ସି ପାଚେରିକୁ ପିଟିଲା ଟ୍ରେଲର, ଚାଳକ ମୃତ

ପଡିଆବାହାଲ,୧୦।୪(ରାଧାମୋହନ ଷଡଙ୍ଗୀ)

ସମ୍ବଲପୁର ସଦର ଥାନା ପଡ଼ିଆବାହାଲ ଖଲିଆପାଲି ଆରଏମସି ପାଚେରିକୁ ଏକ ଲୁହା ବେଝେଇ ଟ୍ରେଲର ଧକ୍କାଦେବାରୁ ଚାଳକଙ୍କ ମୃତ୍ୟୁ ଘଟିଛି। ମୃତକଙ୍କ ପରିଚୟ ମିଳି ନାହିଁ। ସେହିପରି ଲୁହା ବୋଝେଇ ଟ୍ରଲର୍‌ଟି କେଉଁଠାରୁ ଅସୁଥିଲା ଓ କୁଆଡ଼େ ଯାଉଥିବା ସେ ସମ୍ପର୍କରେ ମଧ୍ୟ କିଛି ଜଣା ପଡ଼ିନାହିଁ। ଗୁରୁବାର ସକାଳେ ଉକ୍ତ ଲୁହା ବେଝେଇ ଟ୍ରେଲର ଭାରସାମ୍ୟ ହରାଇ ଖଲିଆପାଲି ଆରଏମସି ପାଚେରିକୁ ଧକ୍କା ଦେଇଥିଲା। ଫଳରେ କ୍ୟାବିନରେ ଚାପି ହୋଇ ଚାଳକଙ୍କ ମୃତ୍ୟୁ ଘଟିଥିଲା। ସଦର ଥାନା ପୋଲିସ ଓ ଅଗ୍ନିଶମ ବିଭାଗ କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚି କ୍ୟାବିନରୁ ଚାଳକଙ୍କ ମୃତଦେହ ଉଦ୍ଧାର କରି ଜିଲା ମୁଖ୍ୟ ଚିକିତ୍ସାଳୟକୁ ନେଇଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣ କରିଥିଲେ। ମୃତଦେହ ଶବଗୃହରେ ରଖା ଯାଇଛି।

## ୧ ଟଙ୍କିଆ କ୍ଲିନିକ୍‌ରେ ଦନ୍ତ ଚିକିତ୍ସାର ଶୁଭାରମ୍ଭ



ଏକ ଟଙ୍କିଆ ଦନ୍ତ ଚିକିତ୍ସା କ୍ଲିନିକର ଶୁଭାରମ୍ଭ ଅବସରରେ ଡା. ରାମଚନ୍ଦାନୀ ଓ ପରିବାର ବର୍ଗ।

ସମ୍ବଲପୁର,୧୦।୪(ପ୍ରମୋଦ ବହିଦାର)

ବୁର୍ଲାରେ ଗୁରୁବାରଠାରୁ ଏକ ଟଙ୍କିଆ ଦନ୍ତ ଚିକିତ୍ସାର ଶୁଭାରମ୍ଭ ହୋଇଛି। ଗତ ୨୦୨୧ ଫେବୃଆରୀ ୧୨ ତାରିଖରେ ମାତ୍ର ଏକ ଟଙ୍କା ବିନିମୟରେ ରୋଗୀଙ୍କୁ ଚିକିତ୍ସା ସେବା ଯୋଗାଇ ଦେବା ଲକ୍ଷ୍ୟରେ ଆରମ୍ଭ ହୋଇଥିଲା ଏହି ଏକ ଟଙ୍କିଆ କ୍ଲିନିକ। ବୁର୍ଲା ଭିମ୍‌ସାର ଭେଷଜ ବିଭାଗ ସହକାରୀ ପ୍ରଫେସର ଡା. ଶଙ୍କର ରାମଚନ୍ଦାନୀଙ୍କ ଦ୍ୱାରା ପରିଚାଳିତ ଏହି ଏକଟଙ୍କିଆ କ୍ଲିନିକ୍ ଇତିମଧ୍ୟରେ ସଫଳତାର ସହିତ ୪ ବର୍ଷ ପୂରଣ କରି ସାରିଛି। ଗୁରୁବାର ଡା. ରାମଚନ୍ଦାନୀଙ୍କ ଧର୍ମପତ୍ନୀ ଦନ୍ତ ଚିକିତ୍ସକ ଡା. ଶିଖା ରାମଚନ୍ଦାନୀଙ୍କ ସହଯୋଗରେ ଆରମ୍ଭ କରିଛନ୍ତି ଏହି ଏକ ଟଙ୍କିଆ ଦନ୍ତ ଚିକିତ୍ସା କ୍ଲିନିକ। ବିଧି ପୂର୍ବକ ପୂଜାର୍ଚ୍ଚନା ପରେ ଡା. ଶିଖା ରାମଚନ୍ଦାନୀଙ୍କ ମାତା ଗୀତା ଭକ୍ତାନୀ ଓ ଡା. ଶଙ୍କର ରାମଚନ୍ଦାନୀଙ୍କ ବଡ଼ ଭଉଣୀ ଗୋପେଶ୍ୱରୀ ମସନ୍ଦ ଏହି ଏକ ଟଙ୍କିଆ ଦନ୍ତ ଚିକିତ୍ସା କ୍ଲିନିକ୍‌କୁ ମିଳିତଭାବେ ଉଦ୍‌ଘାଟନ କରିଛନ୍ତି। ପ୍ରଥମ ଦିନରେ ୭ ଜଣ ଦନ୍ତ ରୋଗୀଙ୍କୁ ଚିକିତ୍ସା ସେବା ଯୋଗାଇ ଦିଆଯାଇଛି। ଏହି ସେବା ବ୍ୟୟ ବହୁଳ ହୋଇଥିଲେ ହେଁ ଲୋକଙ୍କୁ ଏଠାରେ ସମସ୍ତ ପ୍ରକାର ଦନ୍ତ ଚିକିତ୍ସା ଯୋଗାଇ ଦେବାକୁ ସେ ଓ ତାଙ୍କ ଧର୍ମପତ୍ନୀ ସଙ୍କଳ୍ପବଦ୍ଧ ବୋଲି କହିଛନ୍ତି ଡା. ରାମଚନ୍ଦାନୀ।

## ସେନାରେ ନିଯୁକ୍ତି ନେଇ ସଚେତନତା ଶିବିର

ସମ୍ବଲପୁର,୧୦।୪(ଭବାନୀ ଶଙ୍କର ଭୋଇ)

ହୀରାକୁଦ ସ୍ଥିତ ଆଇଟିଆଇ ଛାତ୍ରୀଛାତ୍ରଙ୍କ ମଧ୍ୟରେ ଭାରତୀୟ ସେନାରେ ନିଯୁକ୍ତି ପାଇଁ ଥିବା ବିଭିନ୍ନ ସୁଯୋଗ ଓ ସୁବିଧା ବିଷୟରେ ଗୁରୁବାର ଏକ ସଚେତନତା ଶିବିର ଅନୁଷ୍ଠିତ ହୋଇଛି। ଏହି କାର୍ଯ୍ୟକ୍ରମରେ ସେନା ନିଯୋଜନ କାର୍ଯ୍ୟାଳୟ ସମ୍ବଲପୁରର ଆସିଷ୍ଟାଣ୍ଟ ରିକ୍ରୁଟିଂ ଅଧିକାରୀ ସୁବେଦାର ମେଜର ସି.କେ. ସିଂ ଏବଂ ହାବିଲଦାର ଡି.କେ. ସିଂ ଉପସ୍ଥିତ ଥିଲେ। ସେମାନେ ଛାତ୍ରୀଛାତ୍ରଙ୍କୁ ଭାରତୀୟ ସେନାରେ ଭର୍ତ୍ତି ପାଇଁ ଉପଲବ୍ଧ ନିୟମାବଳୀ, ଶାରୀରିକ ଓ ଶିକ୍ଷାଗତ ଯୋଗ୍ୟତା, ଅଭ୍ୟାସ ପ୍ରକ୍ରିୟା ଓ କ୍ୟାରିୟର ସୁଯୋଗ ବିଷୟରେ ବୁଝାଇଥିଲେ। ଶିବିରରେ ଏକ ହଜାରରୁ ଅଧିକ ଛାତ୍ରୀଛାତ୍ର ଅଂଶଗ୍ରହଣ କରିଥିଲେ। ସେମାନେ ସେନାରେ କେମିତି ଏକ ଗୌରବମୟ ଭବିଷ୍ୟତ ଗଢିପାରିବେ ସେ ସମ୍ପର୍କରେ ସୂଚନା ପ୍ରଦାନ କରିଥିଲେ। ଶିବିରକୁ ଆଇଟିଆଇର ସମସ୍ତ କର୍ମଚାରୀ ଓ ଟାଟାଷ୍ଟ୍ରାଇଭ ଅଧିକାରୀମାନଙ୍କ ସହଯୋଗରେ ଆୟୋଜନ କରାଯାଇଥିଲା।

## ଗୁଦ୍‌ଗୁଦା ମହୋତ୍ସବରେ ଏପାଖ ସେପାଖ

କୁଚିଣ୍ଡା, ୯।୪(ବିରଞ୍ଚି ଦର୍ଜୀ)

### ଜନପ୍ରତିନିଧିଙ୍କୁ ଅଣଦେଖା

ସମ୍ବଲପୁର ଜିଲା କୁଚିଣ୍ଡା କଲେଜ ପଡିଆରେ ତିନିଦିନ ଧରି ଚାଲିଥିବା ଗୁଦଗୁଦା ମହୋତ୍ସବ ବୁଧବାର ରାତିରେ ଉଦ୍‌ଯାପିତ ହୋଇଯାଇଛି। ଦୀର୍ଘବର୍ଷର ବ୍ୟତିକ୍ରମ ପରେ ଉପଖଣ୍ଡ ପ୍ରଶାସନ ଏହାର ଆୟୋଜନ କରିଥିବାରୁ ଅଞ୍ଚଳରେ ଏକ ଉତ୍ସାହର ବାତାବରଣ ଦେଖିବାକୁ ମିଳିଥିଲା। ମାତ୍ର ପ୍ରଶାସନର ଖାମଖିଆଲି ମନୋଭାବ ହେତୁ ବହୁ ଆଡମ୍ବରେ ଲଘୁକ୍ରିୟା ସଦୃଶ ହୋଇଥିଲା। ସରକାରୀ କାର୍ଯ୍ୟକ୍ରମ ହୋଇଥିବାରୁ କୁଚିଣ୍ଡା, ବାମରା, ଜମନକିରା ବ୍ଲକ ଓ କୁଚିଣ୍ଡା ଏନଏସି ପ୍ରଶାସନ ଏଥିରେ ପୂର୍ଣ୍ଣ ସହଯୋଗ କରୁଥିଲା। ହେଲେ ବ୍ଲକ ଓ ଏନ୍‌ଏସି ଅଧ୍ୟକ୍ଷ, ଜିଲା ପରିଷଦ ସଭ୍ୟ ତଥା ପଞ୍ଚାୟତର ଜନପ୍ରତିନିଧିଙ୍କୁ ନିମନ୍ତ୍ରଣ କରାଯାଇ ନ ଥିବାରୁ ସେମାନେ ତୀବ୍ର ଅସନ୍ତୋଷ ପ୍ରକାଶ କରିଛନ୍ତି। କଳା ଓ ସଂସ୍କୃତିର ବିକାଶ ଉଦ୍ଦେଶ୍ୟରେ ଏହି ମହୋତ୍ସବ ଆୟୋଜିତ ହୋଇଥିଲେ ହେଁ ନିର୍ବାଚିତ ଜନପ୍ରତିନିଧିଙ୍କୁ କାର୍ଯ୍ୟକ୍ରମରେ ସାମିଲ କରାଯାଇ ନ ଥିବାକୁ ଦୃଢ ନିନ୍ଦା କରାଯାଇଛି।

### ଗଣମାଧ୍ୟମକୁ ବେଖାତିର

ଗୁଦଗୁଦା ମହୋତ୍ସବ କାର୍ଯ୍ୟକ୍ରମ ଗଣମାଧ୍ୟମ ଜରିଆରେ ପ୍ରଚାର ପ୍ରସାର ହୋଇଥାଏ। ହେଲେ ଏହାର ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ପ୍ରେସ ଗ୍ୟାଲେରିକୁ ନେଇ ଗଣମାଧ୍ୟମ ପ୍ରତିନିଧିମାନେ ଅସନ୍ତୋଷ ପ୍ରକାଶ କରିଥିଲେ। ମଞ୍ଚଠାରୁ ବହୁଦୂରରେ ସେମାନଙ୍କ ଗ୍ୟାଲେରୀ କରାଯାଇଥିଲା। କାର୍ଯ୍ୟକ୍ରମ ସମ୍ପର୍କିତ ଫଟୋ ଓ ସମ୍ବାଦ ସଂଗ୍ରହରେ ବାଧା ସୃଷ୍ଟି ହେବାରୁ ସେମାନେ ପ୍ରେସ ଗ୍ୟାଲେରୀ ବର୍ଜନ କରିଥିଲେ। କାର୍ଯ୍ୟକ୍ରମର ଦ୍ୱିତୀୟ ସନ୍ଧ୍ୟାରେ ମଞ୍ଚ ସମ୍ମୁଖରେ ତାଙ୍କ ପାଇଁ ଗ୍ୟାଲେରୀ କରାଯାଇଥିଲା। ମାତ୍ର ସେମାନଙ୍କ ପାଇଁ ପାନୀୟ ଜର କୌଣସି ବ୍ୟବସ୍ଥା କରାଯାଇ ନ ଥିଲା। ମହୋତ୍ସବ କମିଟି ପକ୍ଷରୁ ଗଣମାଧ୍ୟମ ପାଇଁ ପ୍ରେସ ପାସ୍ ଦିଆଯାଇ ନଥିବାରୁ ସେମାନେ ବିଭିନ୍ନ ସମସ୍ୟାର ସମ୍ମୁଖୀନ ହୋଇଥିଲେ।

### ଦିବଙ୍ଗତ କଳାକାରଙ୍କୁ ଭୁଲିଗଲେ

କଳା ଓ ସଂସ୍କୃତିର ବିକାଶ ଉଦ୍ଦେଶ୍ୟରେ ଗୁଦଗୁଦା ମହୋତ୍ସବ। ହେଲେ କୁଚିଣ୍ଡା କଳା ପରିଷଦର ବରିଷ୍ଠ କଳାକାର ସ୍ୱର୍ଗତ ରାଘବ ସାହୁଙ୍କ ପ୍ରତି ମହୋତ୍ସବ କମିଟି ଅସମ୍ମାନ କରିଛି। ତାଙ୍କ ଉଦ୍ଦେଶ୍ୟରେ ୩ଦିନର କାର୍ଯ୍ୟକ୍ରମ ମଧ୍ୟରେ ଶୋକ ପ୍ରକାଶ କରାଯାଇନାହିଁ କିମ୍ବା ତାଙ୍କ ପରିବାରଙ୍କୁ ଏଥିପାଇଁ ନିମନ୍ତ୍ରଣ ମଧ୍ୟ କରାଯାଇ ନ ଥିଲା।

### ବନବିଭାଗକୁ ଭୁଲିଗଲା ପ୍ରଶାସନ

ଗୁଦଗୁଦା ଜଳପ୍ରପାତ ଓ ଏହାର ଚାରି ପାର୍ଶ୍ୱରେ ଥିବା ପ୍ରାକୃତିକ ଶୋଭାରାଜିକୁ ବଡବାହାଲ ବନସୁରକ୍ଷା ସମିତି ସୁରକ୍ଷା ଦେଇ ଆସୁଛି। ହେଲେ ଗୁଦଗୁଦା ନାମରେ ହୋଇଥିବା ମହୋତ୍ସବକୁ ପ୍ରଶାସନ ସେଠାରେ ନକରି କୁଚିଣ୍ଡାରେ କରିଥିଲା। ଏପରିକି ବନସୁରକ୍ଷା ସମିତି କର୍ମକର୍ତ୍ତାଙ୍କ ସହ ଗ୍ରାମବାସୀଙ୍କୁ ମହୋତ୍ସବ କମିଟି ସମ୍ପୂର୍ଣ୍ଣ ଭୁଲିଗଲା। ସେମାନଙ୍କୁ ନିମନ୍ତ୍ରଣ ବି ଦିଆଯାଇ ନ ଥିଲା। ଏହାଛଡା ବନବିଭାଗ ରେଞ୍ଜର କିମ୍ବା ଫରେଷ୍ଟର କାହାରିକୁ କାର୍ଯ୍ୟକ୍ରମ ପାଇଁ ଡକାଯାଇ ନ ଥିଲା। ମୋଟାମୋଟିଭାବେ ଏହି ମହୋତ୍ସବ କେବଳ କୁଚିଣ୍ଡା ସହର ମଧ୍ୟରେ ସୀମିତ ହୋଇ ରହିଯାଇଥିବା ଚର୍ଚ୍ଚା ଜୋର ଧରିଛି। ଏଭଳି ତମାମ ଅବ୍ୟବସ୍ଥା ସମ୍ପର୍କରେ ଗୁଦଗୁଦା ମହୋତ୍ସବ କମିଟି ଅଧ୍ୟକ୍ଷ ତଥା ଉପଜିଲାପାଳ ଗୌରବମୟ ପ୍ରଧାନଙ୍କୁ ପଚାରିବାରୁ ଜିଲା ପ୍ରଶାସନର ଆଦେଶ ମୁତାବକ କାର୍ଯ୍ୟକ୍ରମ ହୋଇଥିବା କହିଛନ୍ତି।

# ଧରିତ୍ରୀ DHARITRI

51 Years

ଭୁବନେଶ୍ୱର, ଶୁକ୍ରବାର, ଏପ୍ରିଲ ୧୧/୨୦୨୫ | Bhubaneswar, Friday, April 11/2025 | ପୃଷ୍ଠା-୧




## ସିଏସ୍‌କେର ଅଧିନାୟକତ୍ୱ କରିବେ ଧୋନୀ

ଋତୁରାଜ ଗାଏକ୍‌ୱାଡଙ୍କ ସ୍ଥାନରେ ଆଇପିଏଲ୍ ଅବଶିଷ୍ଟାଂଶ ଚେନ୍ନାଇ ସୁପର କିଙ୍ଗ୍ସ (ସିଏସ୍‌କେ)ର ଅଧିନାୟକତ୍ୱ କରିବେ ଏମ୍. ଏସ୍. ଧୋନୀ।

୧୨

୦୨

## ଆଜିଠୁ ଓଟିଟିରେ 'ଛାବା'

ଅଭିନେତା ଭିକି କୌଶଲ ଓ ଅଭିନେତ୍ରୀ ରଶ୍ମିକା ମନ୍ଦାନାଙ୍କର 'ଛାବା' ଫିଲ୍ମ ଶୁକ୍ରବାରଠାରୁ ଓଟିଟି ପ୍ଲାଟଫର୍ମ ନେଟ୍‌ଫ୍ଲିକ୍ସରେ ଷ୍ଟ୍ରିମିଂ ହେବ।





ଆୟୁଷ୍ମାନ୍ ଭାରତ ଯୋଜନାର ଉଦ୍‌ଘାଟନ କାର୍ଯ୍ୟକ୍ରମ ପାଇଁ ଗୁରୁବାର କଟକ ବାଲିଯାତ୍ରା ତଳ ପଡ଼ିଆରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ସମୀକ୍ଷା କରୁଛନ୍ତି। **(ଫଟୋ: ରାଜକିଶୋର ମହାନ୍ତି)**

# ଆଜିଠୁ ଆୟୁଷ୍ମାନ୍

## ବାଲିଯାତ୍ରା ପଡ଼ିଆରେ ଯୋଜନାର ଶୁଭାରମ୍ଭ କରିବେ ନଡ୍ଡା

**ଭୁବନେଶ୍ୱର/କଟକ,୧୦।୪ (ସୁନିତ୍ ମିଶ୍ର/ଶିଖା ପ୍ରିୟଦର୍ଶିନୀ)**

କଟକ ବାଲିଯାତ୍ରା ତଳ ପଡିଆରେ ଶୁକ୍ରବାର ଆୟୁଷ୍ମାନ୍ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ, ଗୋପବନ୍ଧୁ ଜନ ଆରୋଗ୍ୟ ଏବଂ ଆୟୁଷ୍ମାନ୍ ବୟୋବନ୍ଦନା ଯୋଜନାର ଶୁଭାରମ୍ଭ କରାଯିବ। ଏଥିପାଇଁ ସମସ୍ତ ପ୍ରସ୍ତୁତି ଶେଷ ହୋଇଛି। ଭାଜପା ରାଷ୍ଟ୍ରୀୟ ଅଧ୍ୟକ୍ଷ ତଥା କେନ୍ଦ୍ର ସ୍ୱାସ୍ଥ୍ୟମନ୍ତ୍ରୀ ଜଗତ ପ୍ରକାଶ ନଡ୍ଡା ୨ ଦିନିଆ ଓଡ଼ିଶା ଗସ୍ତରେ ଆସି ଶୁକ୍ରବାର ଅପରାହ୍ନ ପ୍ରାୟ ୧ଟାରେ ଭୁବନେଶ୍ୱର ବିମାନବନ୍ଦରରେ ପହଞ୍ଚିବେ। ଏହାପରେ ସେ କଟକ ଯାଇ ବାଲିଯାତ୍ରା ପଡିଆରେ ଉପରୋକ୍ତ ଯୋଜନାର ଶୁଭାରମ୍ଭ କରିବେ। ଏଥିସହ ସର୍ଦ୍ଦାର ବଲ୍ଲଭଭାଇ ପଟେଲ ପୋଷ୍ଟ ଗ୍ରାଜୁଏଟ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ପେଡିଆଟ୍ରିକ୍ସର ନୂତନ କୋଠା ଉଦ୍‌ଘାଟନ କରିବେ। ଏଥିସହ ନଡ୍ଡା ଭୁବନେଶ୍ୱରସ୍ଥିତ ସିପେଟ୍ ଓ ଏମ୍ସ ମେଡିକାଲ କଲେଜ ଯିବାର କାର୍ଯ୍ୟକ୍ରମ ରହିଛି। ଏହାପରେ ସନ୍ଧ୍ୟାରେ ପୁରୀଠାରେ ହେବାକୁ ଥିବା ଦଳର ଏମ୍‌ପି ଓ ବିଧାୟକମାନଙ୍କ ପ୍ରଶିକ୍ଷଣ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିବେ ବୋଲି ଭାଜପା ରାଜ୍ୟ ସଭାପତି ମନମୋହନ ସାମଲ କହିଛନ୍ତି। ମନମୋହନ କହିଛନ୍ତି, ପୂର୍ବ ସରକାର ଅମଳରେ ପ୍ରଚଳିତ ଯୋଜନାରେ କେବଳ ୯୭୮ ☞ପୃଷ୍ଠା-୨

# ୨୮ ଆଇଏଏସ୍ ଅଧିକାରୀ ପୁନଃ ଅବସ୍ଥାପିତ

**ଭୁବନେଶ୍ୱର,୧୦।୪ (ରବିନାରାୟଣ ଜେନା)**

ରାଜ୍ୟ ସରକାରଙ୍କ ପକ୍ଷରୁ ନିକଟରେ ୨୮ ବରିଷ୍ଠ ଓଏଏସ୍ ଅଫିସରଙ୍କୁ ଭାରତୀୟ ପ୍ରଶାସନିକ ସେବା(ଆଇଏଏସ୍)କୁ ପଦୋନ୍ନତି ପରେ ପୁନଃ ଅବସ୍ଥାପିତ କରାଯାଇଛି। ଏହାସହିତ କେତେକ ଅଧିକାରୀଙ୍କୁ ଅତିରିକ୍ତ ଦାୟିତ୍ୱ ପ୍ରଦାନ କରାଯାଇଛି।

ସାଧାରଣ ପ୍ରଶାସନ ବିଭାଗର ବିଜ୍ଞପ୍ତି ଅନୁଯାୟୀ, କେନ୍ଦ୍ର ସରକାରଙ୍କ କର୍ମିକ ମନ୍ତ୍ରଣାଳୟର ବିଜ୍ଞପ୍ତିକୁ ଆଧାର କରି ଜଙ୍ଗଲ ଓ ପରିବେଶ ବିଭାଗ ସ୍ୱତନ୍ତ୍ର ସଚିବ ତଥା ଆଇଏଏସ୍ ଅଫିସର ଧରମ ହାଁସଦାଙ୍କୁ ଉକ୍ତ ବିଭାଗର ଯୁଗ୍ମ ସଚିବ ଭାବେ ପୁନଃ ଅବସ୍ଥାପିତ କରାଯାଇଥିବାବେଳେ ମତ୍ସ୍ୟ ଓ ପଶୁ ସମ୍ପଦ ବିକାଶ ବିଭାଗ ସ୍ୱତନ୍ତ୍ର ସଚିବ ରୀନା ମହାପାତ୍ରଙ୍କୁ ଉକ୍ତ ବିଭାଗର ଯୁଗ୍ମସଚିବ ଭାବେ ଅବସ୍ଥାପିତ କରାଯାଇଛି।

ସେହିପରି ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତୀକରଣ ବିଭାଗ ନିର୍ଦ୍ଦେଶକ ନିୟତୀ ପଟ୍ଟନାୟକ, ପଞ୍ଚାୟତିରାଜ ବିଭାଗ ନିର୍ଦ୍ଦେଶକ ଡ. ମହେଶ୍ୱର ସାହୁ, ମାଧ୍ୟମିକ ଶିକ୍ଷା ପରିଷଦ ସଭାପତି ଶ୍ରୀକାନ୍ତ ତରାଇ, ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକ ବୀରେନ୍ଦ୍ର କୋରକୋରା, ☞ପୃଷ୍ଠା-୨

**ଆଜିର ସମ୍ପାଦକୀୟ**

**ଚାଇନାରେ ବିବାହ ସଙ୍କଟ**

# ରାୟ ଉତାରିଥିଲେ ଦୀପକ ମିଶ୍ର

**ଭାରତର ପୂର୍ବତନ ପ୍ରଧାନ ବିଚାରପତି (ସିଜେଆଇ) ଦୀପକ ମିଶ୍ରଙ୍କ ଦ୍ୱାରା ପ୍ରଦତ୍ତ ଏକ ଅନ୍ତର୍ଜାତୀୟ ମଧ୍ୟସ୍ଥତା ଆୱାର୍ଡକୁ ସିଙ୍ଗାପୁର ସୁପ୍ରିମକୋର୍ଟ ରଦ୍ଦ କରିଦେଇଛନ୍ତି। ଜଷ୍ଟିସ୍ ମିଶ୍ର ପୂର୍ବରୁ ଇଣ୍ଟରନ୍ୟାଶନାଲ ଚାମ୍ବର ଅଫ୍ କମର୍ସ (ଆଇସିସି) ଆର୍ବିଟ୍ରେଶନ୍ ଅଧ୍ୟକ୍ଷ ଥିବାବେଳେ ଦେଇଥିବା ୨ଟି ରାୟର ୪୫୧ ପାରାଗ୍ରାଫ୍ ମଧ୍ୟରୁ ୨୧୨ଟି ପାରା ଅର୍ଥାତ୍ ୪୭% ଉତାରି ଭିନ୍ନ ମାମଲାରେ ସମାନ ରାୟ ଦେଇଥିବାରୁ ସିଙ୍ଗାପୁର ସୁପ୍ରିମକୋର୍ଟ ଏହାକୁ 'ଅବିବେକୀ କାର୍ଯ୍ୟ' କହି ଭର୍ତ୍ସନା କରିଛନ୍ତି। ପ୍ରଶ୍ନ ଘେରକୁ ଆସିଥିବା ଆଲୋଚ୍ୟ ଆୱାର୍ଡ ଭାରତ ସରକାର ଓ ଘରୋଇ ରେଲୱେ କଣ୍ଟ୍ରାକ୍ଟରଙ୍କ ମଧ୍ୟରେ ହୋଇଥିବା ବିବାଦ ସହ ଜଡ଼ିତ। ୨୦୧୭ରେ ଭାରତ ସରକାର ସର୍ବନିମ୍ନ ମଜୁରି ବୃଦ୍ଧି ସକାଶେ ଏକ ବିଜ୍ଞପ୍ତି ପ୍ରକାଶ କରିବା ପରେ ଏହି ବିବାଦ ସୃଷ୍ଟି ହୋଇଥିଲା। ଭାରତରେ ଫ୍ରେଟ୍ କରିଡର ଅଧୀନ ପ୍ରକଳ୍ପଗୁଡ଼ିକରେ ସାମିଲ ଥିବା ୩ କମ୍ପାନୀକୁ ନେଇ ଗଠିତ ଏକ କନ୍‌ସୋର୍ଟିୟମ୍ ମଜୁରି ବୃଦ୍ଧି ଯୋଗୁ ଅଧିକ ଦେୟ ଦାବି କରିଥିଲା। ଫଳରେ ଠିକାଦାର କମ୍ପାନୀଗୁଡ଼ିକୁ ଅତିରିକ୍ତ ଦେୟ ପ୍ରଦାନ କରାଯିବ କି ନାହିଁ ସେନେଇ ପ୍ରଶ୍ନ ଉଠିଥିଲା। ସେତେବେଳେ ଏନେଇ ଦେଶରେ ସହମତି ପ୍ରକାଶ ନ ପାଇବାରୁ ସମାଧାନ ପାଇଁ ସିଙ୍ଗାପୁରସ୍ଥିତ ଆଇସିସି ଆର୍ବିଟ୍ରେଶନ୍ ଅଧ୍ୟକ୍ଷ ଜଷ୍ଟିସ୍ ମିଶ୍ରଙ୍କ ନିକଟକୁ ମାମଲା ପଠାଯାଇଥିଲା। ଜଷ୍ଟିସ୍ ମିଶ୍ରଙ୍କ ଟ୍ରିବ୍ୟୁନାଲ ଉକ୍ତ ଠିକା ସଂସ୍ଥାଗୁଡ଼ିକ ସପକ୍ଷରେ ରାୟ ଦେଇଥିଲେ। ମାମଲା ସିଙ୍ଗାପୁର ସୁପ୍ରିମକୋର୍ଟକୁ ଯିବା ପରେ ସେଠାକାର ପ୍ରଧାନ ବିଚାରପତି ଜଷ୍ଟିସ୍ ସୁନ୍ଦରେଶ ମେନନ୍ ଏବଂ ଷ୍ଟିଭେନ୍ ଚୋଙ୍ଗ୍ ଏହାର ବିଚାରକରି ରାୟ ଶୁଣାଇଛନ୍ତି।**



ପୂର୍ବତନ ସିଜେଆଇ ଦୀପକ ମିଶ୍ର

## ରଦ୍ଦକଲେ ସିଙ୍ଗାପୁର ସୁପ୍ରିମକୋର୍ଟ

**ସିଙ୍ଗାପୁର/ନୂଆଦିଲ୍ଲୀ,୧୦।୪**

ଭାରତର ପୂର୍ବତନ ପ୍ରଧାନ ବିଚାରପତି (ସିଜେଆଇ) ଦୀପକ ମିଶ୍ରଙ୍କ ଅଧ୍ୟକ୍ଷତାରେ ଗଠିତ ଆର୍ବିଟ୍ରେଶନ ଟ୍ରିବ୍ୟୁନାଲଙ୍କ ରାୟକୁ ସିଙ୍ଗାପୁର ସୁପ୍ରିମକୋର୍ଟ ଖାରଜ କରିଦେଇଛନ୍ତି। ଉକ୍ତ ରାୟର ୪୭ ପ୍ରତିଶତ ଅର୍ଥାତ୍ ମୋଟ ୪୫୧ରୁ ୨୧୨ ପାରାଗ୍ରାଫ୍‌ରେ ଦୁଇଟି ପୂର୍ବ ରାୟର ଶବ୍ଦଗୁଡ଼ିକୁ ଅବିକଳ ଉତରାଯାଇଥିବା ସିଙ୍ଗାପୁର ଶୀର୍ଷ ଅଦାଲତ ଜାଣିବାକୁ ପାଇଛନ୍ତି। ଉକ୍ତ ଟ୍ରିବ୍ୟୁନାଲରେ ମଧ୍ୟପ୍ରଦେଶ ହାଇକୋର୍ଟର ପୂର୍ବତନ ବିଚାରପତି କ୍ରିଷ୍ଣକୁମାର ଲାହୋଟି ଏବଂ ଜମ୍ମୁ-କଶ୍ମୀର ହାଇକୋର୍ଟର ପୂର୍ବତନ ମୁଖ୍ୟ ବିଚାରପତି ଗୀତା ମିତ୍ତଲ ମଧ୍ୟ ସଦସ୍ୟ ରହିଥିଲେ।

ପୂର୍ବ ରାୟଗୁଡ଼ିକୁ ଅତିମାତ୍ରାରେ କପି କରାଯାଇଥିବା ପ୍ରଧାନ ବିଚାରପତି ସୁନ୍ଦରେଶ ମେନନ ଏବଂ ଜଷ୍ଟିସ୍ ଷ୍ଟିଭେନ୍ ଚୋଙ୍ଗ୍‌ଙ୍କୁ ନେଇ ଗଠିତ ସିଙ୍ଗାପୁର ସୁପ୍ରିମକୋର୍ଟ ଖଣ୍ଡପୀଠ ଜାଣିବା ଏହା ପଛରେ ଅନେକ ନିହିତାର୍ଥ ରହିଥିବା ଟିପ୍ପଣୀ ଦେଇଛନ୍ତି। ପରସ୍ପର ସହ ସାମଞ୍ଜସ୍ୟ ଥିବା ୨ଟି ବିବାଦର ସମାଧାନ କରିବା ଜଣେ ଆର୍ବିଟ୍ରେଟରଙ୍କ ପାଇଁ କିଛି ଭୁଲ୍ ନୁହେଁ। ତେବେ ପୂର୍ବରୁ ଦିଆଯାଇଥିବା ରାୟର ସମାନ ଅଂଶକୁ ଉତାରି ଏହାକୁ ତୃତୀୟ ରାୟରେ ସ୍ଥାନ ଦେବା ଏବଂ ସେଥିରେ ରହିଥିବା ପାର୍ଥକ୍ୟଗୁଡ଼ିକୁ ଆଦୌ ନ ବଦଳାଇବା ଭୁଲ୍ ବୋଲି ସୁପ୍ରିମକୋର୍ଟଙ୍କ କୋର୍ଟ ଅଫ୍ ଅପିଲ୍ ପକ୍ଷରୁ କୁହାଯାଇଛି। ଉକ୍ତ ରାୟକୁ ଦେଖିଲେ ଟ୍ରିବ୍ୟୁନାଲ ପୂର୍ବ ରାୟଗୁଡ଼ିକ ଦ୍ୱାରା ପ୍ରଭାବିତ ହୋଇଥାଇପାରନ୍ତି ବୋଲି ଯେକୌଣସି ସୁସ୍ଥ ମାନସିକ ପର୍ଯ୍ୟବେକ୍ଷକ ସନ୍ଦେହ କରିପାରେ ବୋଲି ଅଦାଲତ କହିଛନ୍ତି।

ବିବାଦଟି ଭାରତରେ ମାଲ୍ ପରିବହନ କରିଡର ପରିଚାଳନା ପାଇଁ ଏକ ସ୍ୱତନ୍ତ୍ର ଆଇନଗତ ସଂସ୍ଥାକୁ ନେଇ ସୃଷ୍ଟି ହୋଇଥିଲା। ଏହି ଭିତ୍ତିଭୂମି ପ୍ରକଳ୍ପ ସହ ୩ଟି କମ୍ପାନୀର ଏକ କନ୍‌ସୋର୍ଟିୟମ୍ ସମ୍ପୃକ୍ତ ଥିଲେ। ସରକାରଙ୍କ ୨୦୧୭ର ଏକ ବିଜ୍ଞପ୍ତିରେ ସର୍ବନିମ୍ନ ମଜୁରି ବଢ଼ାଇଦିଆଯିବା ଅର୍ଥ କନ୍‌ସୋର୍ଟିୟମ୍ ସେମାନଙ୍କ କଣ୍ଟ୍ରାକ୍ଟ ଅଧୀନରେ ଅତିରିକ୍ତ ପ୍ରାପ୍ୟ ଦାବି କରିପାରିବ କି ବୋଲି ପ୍ରଶ୍ନ ଉଠିଥିଲା। ବୁଝାମଣା ବିଫଳ ହେବା ପରେ ୨୦୨୩ ନଭେମ୍ବରରେ ଉକ୍ତ ମାମଲା ସିଙ୍ଗାପୁରର ଆର୍ବିଟ୍ରେଶନକୁ ଯାଇଥିଲା, ଯେଉଁଠି ଜଷ୍ଟିସ୍ ଦୀପକ ମିଶ୍ରଙ୍କ ନେତୃତ୍ୱାଧୀନ ଟ୍ରିବ୍ୟୁନାଲ କନସୋର୍ଟିୟମ୍ ସପକ୍ଷରେ ରାୟ ଦେଇଥିଲେ। ପୂର୍ବତନ ସିଜେଆଇ ଦୀପକ ମିଶ୍ରଙ୍କ ଅଧ୍ୟକ୍ଷତାରେ ଗଠିତ ଅନ୍ୟ ଟ୍ରିବ୍ୟୁନାଲର ରାୟକୁ ଉକ୍ତ ମାମଲାରେ କପି କରାଯାଇଥିବା ଅପିଲ୍‌ର ସିଙ୍ଗାପୁର ହାଇକୋର୍ଟରେ ଶୁଣାଣି ହୋଇଥିଲା। ତେବେ ପୂର୍ବ ରାୟଗୁଡ଼ିକ ସହ ଦୀପକ ମିଶ୍ରଙ୍କ ସହ ଆର୍ବିଟ୍ରେଟରମାନେ ସାମିଲ ନ ଥିଲେ। ପକ୍ଷମାନଙ୍କ ଯୁକ୍ତି ଏବଂ ଭୁଲ୍ ଚୁକ୍ତିଭିତ୍ତିକ ସର୍ତ୍ତ ଲାଗୁ କରିବା ତଥା ଆଇନଗତ ସିଦ୍ଧାନ୍ତର ନିରପେକ୍ଷ ଭାବେ ଅନୁଧ୍ୟାନ କରିବାରେ ଟ୍ରିବ୍ୟୁନାଲ ବିଫଳ ହୋଇଥିବାରୁ ଏହା ସ୍ୱାଭାବିକ ନ୍ୟାୟ ସିଦ୍ଧାନ୍ତର ଉଲ୍ଲଂଘନ ବୋଲି ହାଇକୋର୍ଟ ଜାଣିବାକୁ ପାଇଥିଲେ।

# ୧୨୮ ବର୍ଷ ପରେ ଅଲିମ୍ପିକ୍ସକୁ ଫେରୁଛି କ୍ରିକେଟ୍

**ନୂଆଦିଲ୍ଲୀ,୧୦।୪(ପି.ଟି.)**

୧୨୮ ବର୍ଷର ଦୀର୍ଘ ବ୍ୟବଧାନ ପରେ କ୍ରିକେଟ ଅଲିମ୍ପିକ୍ସକୁ ଫେରିବାକୁ ଯାଉଛି। ଆମେରିକାର ଲସ୍‌ଏଞ୍ଜେଲ୍ସ (ଲା)ରେ ହେବାକୁ ଯାଉଥିବା ୨୦୨୮ ଅଲିମ୍ପିକ୍ସରେ ଉଭୟ ପୁରୁଷ ଓ ମହିଳା ବିଭାଗରେ ଟି୨୦ କ୍ରିକେଟ ଟୁର୍ନାମେଣ୍ଟ ଖେଳାଯିବ। ଉଭୟ ବିଭାଗରେ ୬ ଲେଖାଏ ଦଳ ଭାଗ ନେବେ। ଏ ନେଇ ଅଲିମ୍ପିକ୍ସ ଆୟୋଜକଙ୍କ ପକ୍ଷରୁ ସ୍ପଷ୍ଟ କରାଯାଇଛି। କ୍ରିକେଟକୁ ଅନ୍ତିମ ଥର ଅଲିମ୍ପିକ୍ସର ୧୯୦୦ ସଂସ୍କରଣରେ ଖେଳାଯାଇଥିଲା। ଏଥିରେ ଗ୍ରେଟ ବ୍ରିଟେନ ଓ ଫ୍ରାନ୍ସ ମଧ୍ୟରେ ଏକ ଦୁଇ ଦିନିଆ କ୍ରିକେଟ ମ୍ୟାଚ ଖେଳାଯାଇଥିଲା, ଯାହାକୁ ବର୍ତ୍ତମାନ ଅଣସ୍ୱୀକୃତିପ୍ରାପ୍ତ ଟେଷ୍ଟ ମାନ୍ୟତା ଦିଆଯାଇଛି।

ପ୍ରତ୍ୟେକ ଦଳ ୧୫ ଲେଖାଏ ଖେଳାଳିଙ୍କ ନାମ ଘୋଷଣା କରିବେ। ପୁରୁଷ ଓ ମହିଳାଙ୍କ ଇଭେଣ୍ଟ ଲାଗି ୯୦ ଲେଖାଏ ଆଥ୍‌ଲେଟ୍‌ଙ୍କ କୋଟା ପ୍ରଦାନ କରାଯାଇଛି। ଅନ୍ତର୍ଜାତୀୟ କ୍ରିକେଟ ପରିଷଦ (ଆଇସିସି)ରେ ଆଫଗାନିସ୍ତାନ, ଅଷ୍ଟ୍ରେଲିଆ, ଇଂଲଣ୍ଡ, ବାଂଲାଦେଶ, ଭାରତ, ଆୟର୍ଲାଣ୍ଡ, ନ୍ୟୁଜିଲାଣ୍ଡ, ପାକିସ୍ତାନ, ଦକ୍ଷିଣ ଆଫ୍ରିକା, ଶ୍ରୀଲଙ୍କା, ୱେଷ୍ଟଇଣ୍ଡିଜ, ଜିମ୍ବାୱେ ଆଦି ୧୨ ସମ୍ପୂର୍ଣ୍ଣ ସଦସ୍ୟ ରହିଛନ୍ତି। ଏମାନଙ୍କ ବ୍ୟତୀତ ଆସୋସିଏଟ୍ ସଦସ୍ୟଙ୍କ ଗ୍ରୁପରେ ୯୪ ଦେଶ ରହିଛନ୍ତି। ୨୦୨୮ ଅଲିମ୍ପିକ୍ସର କ୍ରିକେଟ ଇଭେଣ୍ଟ ଲାଗି ଯୋଗ୍ୟତା ମାନଦଣ୍ଡ ସମ୍ପର୍କରେ କିଛି ସ୍ପଷ୍ଟ କରାଯାଇ ନାହିଁ। କିନ୍ତୁ ଆମେରିକା ଆୟୋଜକ ଦେଶ ହୋଇଥିବାରୁ ସିଧାସଳଖ ଇଭେଣ୍ଟରେ ଅଂଶଗ୍ରହଣ କରିବ। ଏହାର ଅର୍ଥ ଯୋଗ୍ୟତା ପର୍ଯ୍ୟାୟ ପ୍ରକ୍ରିୟାରୁ ୫ ଦଳ ମୁଖ୍ୟ ଇଭେଣ୍ଟରେ ପହଞ୍ଚିବେ। ଆଶା କରାଯାଉଛି ଯେ, ଏକ ନିର୍ଦ୍ଦିଷ୍ଟ ତାରିଖ ସୁଦ୍ଧା ଆଇସିସି ର୍‍ୟାଙ୍କିଙ୍ଗ୍‌ର ଟପ-୫ରେ ଥିବା ଦଳ ଯୋଗ୍ୟତା ହାସଲ କରିବେ।

କ୍ରିକେଟ ସମେତ ୫ଟି ନୂଆ ସ୍ପୋର୍ଟ୍ସ ଇଭେଣ୍ଟ ପରବର୍ତ୍ତୀ ଅଲିମ୍ପିକ୍ ଗେମ୍ସରେ ସ୍ଥାନ ପାଇବ। ଅନ୍ତର୍ଜାତୀୟ ଅଲିମ୍ପିକ୍ କମିଟି (ଆଇଓସି) ୨୦୨୩ରେ ଲସ୍‌ଏଞ୍ଜେଲ୍ସ ଅଲିମ୍ପିକ୍ସରେ କ୍ରିକେଟକୁ ସାମିଲ କରିବା ଲାଗି ମଞ୍ଜୁରୀ ଦେଇଥିଲା। କ୍ରିକେଟ ସହିତ ବେସ୍‌ବଲ/ସଫ୍ଟବଲ, ☞ପୃଷ୍ଠା-୨

# ଘାତକ ଅସ୍ତ୍ର ନୁହେଁ ମଣିଷ ଦାନ୍ତ

## ଏତଲା ଖାରଜ ଆବେଦନ ଶୁଣାଣିରେ ବମ୍ବେ ହାଇକୋର୍ଟଙ୍କ ରାୟ

**ମୁମ୍ବାଇ,୧୦।୪**

ମଣିଷ ଦାନ୍ତ ଘାତକ ନୁହେଁ। ଜଣେ ଅନ୍ୟ ଜଣଙ୍କୁ କାମୁଡ଼ି ଦେଲେ ଏହାର କୌଣସି ଗଭୀର ପ୍ରଭାବ ପଡ଼ି ନ ଥାଏ ବୋଲି ବମ୍ବେ ହାଇକୋର୍ଟ ଏକ ଏଫ୍ଆଇଆର କ୍ୱାଶିଂ ବା ଏତଲା ଖାରଜ ଆବେଦନର ଶୁଣାଣି କରି କହିଛନ୍ତି। ବିଚାରପତି ଭିଭା କଙ୍କଣ୍ୱାଡି ଏବଂ ସଞ୍ଜୟ ଦେଶମୁଖଙ୍କୁ ନେଇ ଗଠିତ ହାଇକୋର୍ଟର ଔରଙ୍ଗାବାଦ ପୀଠ ଜଣେ ମହିଳାଙ୍କ ଆବେଦନ ଉପରେ ବିଚାର କରି ଏଭଳି ମତ ଦେଇଛନ୍ତି।

ମିଳିଥିବା ସୂଚନା ଅନୁସାରେ, ଜଣେ ମହିଳାଙ୍କ ସହ ତାଙ୍କ ଭାଉଜଙ୍କ ପାଟିତୁଣ୍ଡ ହୋଇଥିଲା। ଏହିସମୟରେ ଭାଉଜ ରାଗିଯାଇ ତାଙ୍କ ନଣନ୍ଦଙ୍କ ହାତକୁ କାମୁଡ଼ି ଦେଇଥିଲେ। ଏନେଇ ନଣନ୍ଦ ୨୦୨୦ରେ ସ୍ଥାନୀୟ ଥାନାରେ ଅଭିଯୋଗ କରିଥିଲେ। ଅଭିଯୋଗକୁ ଆଧାର କରି ପୋଲିସ ଆଇପିସି ଦଫା ୩୨୪(ଘାତକ ଅସ୍ତ୍ର ବ୍ୟବହାର କରି ଆହତ କରିବା) ଲଗାଇ ଏକ ମାମଲା ରୁଜୁ କରିଥିଲା। ଏପରି କି ଅଭିଯୋଗକାରିଣୀଙ୍କ ଡାକ୍ତରୀ ପରୀକ୍ଷା ହୋଇଥିଲା। ଡାକ୍ତରୀ ରିପୋର୍ଟରେ ସାମାନ୍ୟ ଆହତ ଉଲ୍ଲେଖ ରହିଥିଲା। ପରେ ଉକ୍ତ ଏତଲାକୁ ଖାରଜ କରିବାକୁ ସମ୍ପୃକ୍ତ ଭାଉଜ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ହାଇକୋର୍ଟ ଗତ ୪ତାରିଖରେ ଉକ୍ତ ଆବେଦନର ଶୁଣାଣି କରି କହିଛନ୍ତି ଯେ, ଅଭିଯୋଗକାରିଣୀଙ୍କ ଏତଲାକୁ ଆଧାର କରି ପୋଲିସ ଆଇପିସି ଦଫା ୩୨୪ ଲଗାଇଛି, ଯାହାର ଏହି ଘଟଣା ସହିତ କୌଣସି ପ୍ରକାର ତାଳମେଳ ରହୁ ନାହିଁ। ଅଭିଯୋଗକାରିଣୀଙ୍କୁ ତାଙ୍କ ଭାଉଜ ଦାନ୍ତରେ କାମୁଡ଼ି ଥିବାନେଇ ଅଭିଯୋଗ ହୋଇଥିଲା। ତେବେ ମଣିଷ ଦାନ୍ତ ଏକ ଘାତକ ଅସ୍ତ୍ର ନୁହେଁ। ଏହାଦ୍ୱାରା ମଣିଷ ଶରୀରରେ ଗଭୀର ମାତ୍ରାରେ ପ୍ରଭାବ ପଡ଼ି ନ ଥାଏ। ଅଭିଯୋଗକାରିଣୀଙ୍କ ମେଡିକାଲ ରିପୋର୍ଟରେ ମଧ୍ୟ ସାମାନ୍ୟ ଆହତ ବୋଲି ଉଲ୍ଲେଖ ରହିଛି। ଏତଲା ଅଭିଯୋଗକୁ ଆଧାର କରି ଏଭଳି ଦଫା ଲଗାଇବା ଆଇନର ଦୁରୁପଯୋଗ ସଦୃଶ ବୋଲି ଖଣ୍ଡପୀଠ ସ୍ପଷ୍ଟ କରିବା ସହ ଅଭିଯୋଗକାରିଣୀଙ୍କ ଏତଲାକୁ ଖାରଜ କରିଦେଇଛନ୍ତି।


# ପାଣି ନାହିଁ ବୋଲି ମିଳୁନି ବୋହୂ

## ଗାଁର ୮୦ରୁ ଊର୍ଦ୍ଧ୍ୱ ଯୁବକ ଅବିବାହିତ

**ନବରଙ୍ଗପୁର,୧୦।୪ (ସଦାଶିବ ପ୍ରହରାଜ)**

ନବରଙ୍ଗପୁର ଜିଲା ପାପଡ଼ାହାଣ୍ଡି ବ୍ଲକ ସାନବାର୍ଲି ପଞ୍ଚାୟତ ଅଧୀନ ବଡ଼ବାର୍ଲି ଗାଁରେ ବର୍ଷ ବର୍ଷ ଧରି ଲାଗିରହିଛି ପାଣି ସମସ୍ୟା। ପ୍ରାୟ ୨ ବର୍ଷ ହେବ ମେଗା ପାନୀୟଜଳ ପ୍ରକଳ୍ପରେ ଏକ ପାଣି ଟାଙ୍କି ଗ୍ରାମରେ ନିର୍ମାଣ ହୋଇ ପାଇପ ବିଛା ଯାଇଛି। ହେଲେ ଗ୍ରାମବାସୀଙ୍କୁ ପାଇପ୍ ପାଣି ମିଳିନି। ଟୋପାଏ ପାଣି ପାଇଁ ଯିବାକୁ ପଡୁଛି ଦୀର୍ଘ ଦେଢ଼ କିଲୋମିଟର। ଉକ୍ତ ସମସ୍ୟା ପାଇଁ ଏହି ଗାଁରେ ଝିଅ ଦେବାକୁ କେହି ରାଜି ହେଉନାହାନ୍ତି। ଖାସ୍ ଏହି କାରଣରୁ ଏବେ ଗାଁର ପ୍ରାୟ ୮୦ରୁ ଅଧିକ ଯୁବକ ଅବିବାହିତ ଅଛନ୍ତି।

ବଡ଼ବାର୍ଲି ଗାଁରେ ୨୧୮ ପରିବାର। ଲୋକସଂଖ୍ୟା ହଜାରରୁ ଊର୍ଦ୍ଧ୍ୱ। ପାହାଡ଼ଘେରା ଗାଁରେ ରାସ୍ତା, ବିଜୁଳିତ ରହିଛି। କିନ୍ତୁ ପିଇବା ପାଣି ସୁବିଧାରେ ମିଳୁନି। ପ୍ରଶାସନ ପକ୍ଷରୁ ଏଠାରେ ୩ଟି ନଳକୂପ ଖୋଳାଯାଇଥିଲା। ଗାଁ ସ୍କୁଲ ପରିସରରେ ବି ଗୋଟିଏ ନଳକୂପ ଅଛି। କିନ୍ତୁ ବର୍ତ୍ତମାନ କେବଳ ଗୋଟିଏ ନଳକୂପରୁ ଅଳ୍ପ କିଛି ପାଣି ବାହାରୁଛି, ଯାହା କି ଲୋକଙ୍କ ଆବଶ୍ୟକତାଠାରୁ ଢେର୍ କମ୍। ଅନ୍ୟ ୩ଟି ଅଚଳ। ଫଳରେ ବାଧ୍ୟ ହୋଇ ରାତି ପାହିଲେ ମହିଳାମାନେ ଦେଢ଼ କି.ମି. ଦୂରରେ ଥିବା ଝରଣାକୁ ପାଣି ପାଇଁ ଯାଉଛନ୍ତି। ତେବେ ଏ ନେଇ ୧୦ ବର୍ଷ ତଳେ ମଧ୍ୟ ଧରିତ୍ରୀରେ ଏକ ଖବର ପ୍ରକାଶ ପାଇଥିଲା। ଏହାପରେ ଝରଣା ପାଣି ସଂଗ୍ରହ ପାଇଁ ପ୍ରଶାସନ ପକ୍ଷରୁ କୁଣ୍ଡ ନିର୍ମାଣ ସହ ପାଇପ୍ ଲଗାଯାଇଥିଲା। ଝରଣା ପାଖକୁ ଯିବାକୁ ହେଲେ ପ୍ରାୟ ୩୦ ଫୁଟ୍ ତଳକୁ ଯିବାକୁ ପଡୁଥିବାରୁ ପ୍ରଶାସନ ପକ୍ଷରୁ ୩୫ଟି ପାହାଚ କରାଯାଇଛି। ପାଣି ସଂଗ୍ରହ ପାଇଁ ପଥର ସନ୍ଧିରେ ୨ଟି ପାଇପ୍ ଲଗାଯାଇଛି। ଏଥିସହ ଅନ୍ତ୍ୟେଷ୍ଟିକ୍ରିୟା ସ୍ନାନ, ଶୌଚ ଆଦି ପାଇଁ ପ୍ରାୟ ୨କି.ମି. ଦୂର ସାନବାର୍ଲି କିମ୍ବା ନୂଆଗୁଡ଼ା ଗାଁ ପୋଖରୀକୁ ଯିବାକୁ ପଡୁଥିବା ଗ୍ରାମବାସୀ କହିଛନ୍ତି। ବାରମ୍ବାର ଏ ସମସ୍ୟା ସମ୍ପର୍କରେ ବ୍ଲକ ଓ ଜିଲା ପ୍ରଶାସନକୁ ଅବଗତ କରାଯିବା ପରେ ମଧ୍ୟ କିଛି ସୁଫଳ ☞ପୃଷ୍ଠା-୨



ମହିଳାମାନେ ଝରଣାରୁ ପାଣି ଧରି ଗାଁକୁ ଫେରୁଛନ୍ତି।


KiiT

## ସୁରକ୍ଷା ଅଧିକାରୀ /କର୍ମଚାରୀ ଆବଶ୍ୟକ

କିଟ୍ ବିଶ୍ୱବିଦ୍ୟାଳୟର ବିଭିନ୍ନ କ୍ୟାମ୍ପସ ପାଇଁ ଉଭୟ ପୁରୁଷ ଓ ମହିଳା ବର୍ଗର ୩୦୦ ସୁରକ୍ଷା କର୍ମଚାରୀ ଓ ସୁରକ୍ଷା ଅଧିକାରୀ ପଦବୀ ନିମନ୍ତେ ଦରଖାସ୍ତ ଆହ୍ୱାନ କରାଯାଉଛି।

**ସୁରକ୍ଷା କର୍ମଚାରୀ** ପ୍ରାର୍ଥୀଙ୍କ ବୟସ ୧୮ରୁ ୨୫ବର୍ଷ ମଧ୍ୟରେ ହୋଇଥିବା ଆବଶ୍ୟକ। ପ୍ରାର୍ଥୀ ମ୍ୟାଟ୍ରିକ୍ ବା ତଦୂର୍ଦ୍ଧ୍ୱ ପରୀକ୍ଷାରେ କୃତକାର୍ଯ୍ୟ ହୋଇଥିବେ। ପ୍ରାର୍ଥୀଙ୍କ ଉଚ୍ଚତା ୫ଫୁଟ୍ ୮ଇଞ୍ଚ ହୋଇଥିବା ବାଞ୍ଛନୀୟ (ମହିଳାଙ୍କ କ୍ଷେତ୍ରରେ ଉଚ୍ଚତା କୋହଳ କରାଯିବ)। ପ୍ରାର୍ଥୀଙ୍କ ଫିଜିକାଲ୍ ଓ ମେଡିକାଲ୍ ଫିଟ୍‌ନେସ୍ ଉପରେ ଗୁରୁତ୍ୱ ଦିଆଯିବ।

**ସୁରକ୍ଷା ଅଧିକାରୀ** ପଦବୀ ପାଇଁ ଅବସରପ୍ରାପ୍ତ ସେନା ଅଧିକାରୀଙ୍କୁ ଅଗ୍ରାଧିକାର ଦିଆଯିବ। ଆବେଦନର ଶେଷ ତାରିଖ **୨୫।୪।୨୦୨୫**। ଆବେଦନ କରିବା ସମୟରେ ପ୍ରାର୍ଥୀ ନିଜର ସ୍ଥାୟୀ ଠିକଣା ସହ ଟେଲିଫୋନ୍ ନମ୍ବର ଦେବା ନିହାତି ଆବଶ୍ୟକ।

ସ୍ୱା/-କୁଳସଚିବ (କିଟ୍ ବିଶ୍ୱବିଦ୍ୟାଳୟ)

**ଆବେଦନ କରିବାର ଠିକଣା: ଏଚ୍ ଆର୍ ସେଲ୍, ଚିନ୍ତନ ବିଲ୍ଡିଂ, କ୍ୟାମ୍ପସ୍-୪ କିଟ୍ ବିଶ୍ୱବିଦ୍ୟାଳୟ, ପୋ: କିଟ୍, ଭୁବନେଶ୍ୱର-୭୫୧୦୨୪**

**Email: recruitment.kiit2025@kiit.ac.in**

# ଆଜି କ'ଣ କେଉଁଠି

## ଭୁବନେଶ୍ୱର

- ଭଗବତୀ ମା' ପାଟୋଳୀଶ୍ୱରୀଙ୍କ ଦ୍ୱାଦଶ ତମ ବାର୍ଷିକ ବିଶ୍ୱଶାନ୍ତି ମହାଯଜ୍ଞର ସୂର୍ଯ୍ୟ ପୂଜା ଓ ଗୀତା ଯଜ୍ଞ, ସ୍ଥାନ: ବେଣ୍ଟପୁର ବାଲିକାଣ୍ଡିଆସ୍ଥିତ ମନ୍ଦିର ପରିସର, ସମୟ: ସକାଳ ୯ଟା।
- ଓଡ଼ିଶା ବୈଷୟିକ ଓ ଗବେଷଣା ବିଶ୍ୱବିଦ୍ୟାଳୟର ଦ୍ୱିତୀୟ ଦୀକ୍ଷାନ୍ତ ସମାରୋହ, ସ୍ଥାନ: ରେଳ ଅଡିଟୋରିୟମ, ମଞ୍ଚେଶ୍ୱର ସମୟ: ପୂର୍ବାହ୍ନ ୧୦ଟା।
- ନଳିନୀ ଦେବୀ ଶିକ୍ଷକ ଶିକ୍ଷା ମହିଳା ମହାବିଦ୍ୟାଳୟର ବାର୍ଷିକୋତ୍ସବ, ସ୍ଥାନ: ମହାବିଦ୍ୟାଳୟ ପରିସର, ସମୟ: ଅପରାହ୍ନ ୫ଟା ୩୦।
- ଶ୍ରୀ ଶ୍ରୀ ସୀତା ରାମେଶ୍ୱର ରାମଲୀଳା ଗୀତିନାଟ୍ୟ ସଂଘ ଆନୁକୂଲ୍ୟରେ ନାଟକ 'ଶ୍ରୀ ରାମ ବନବାସ', ସ୍ଥାନ: ଗୋତଲବିନ୍ଧାସ୍ଥିତ ସୀତା ରାମେଶ୍ୱର ମନ୍ଦିର ସମ୍ମୁଖ, ସମୟ: ରାତି ୧୧ଟା।
- ଶ୍ରୀ ଶ୍ରୀ ପତିତପାବନ ଦେବ ରାମଲୀଳା ନାଟ୍ୟ ପରିଷଦ ଆନୁକୂଲ୍ୟରେ ନାଟକ 'ସୂପନେଖାର ନାସା ଓ କର୍ଣ୍ଣ ଛେଦନ', ସ୍ଥାନ: କାକରୁଦ୍ରପୁର ପତିତପାବନ ଦେବ ମନ୍ଦିର ପରିସର, ସମୟ: ରାତି ୧୧ଟା ୩୦।
- ଶ୍ରୀ ଶ୍ରୀ ସିଦ୍ଧେଶ୍ୱର ରାମଲୀଳା ପ୍ରଚାର କମିଟି ପକ୍ଷରୁ ରାମଲୀଳାର ନାଟକ 'ସୀତା ଚୋରି', ସ୍ଥାନ: ବଇରୁଆ ଗାନ୍ଧୀ ଛକସ୍ଥିତ ରାମଲୀଳା ପଡ଼ିଆ, ସମୟ: ରାତି ୧୧ଟା ୩୦।
- ଶ୍ରୀ ଶ୍ରୀ ନୀଳକଣ୍ଠେଶର ରାମଲୀଳା ପ୍ରଚାର ସମିତି ପକ୍ଷରୁ ରାମଲୀଳାର ନାଟକ 'ଶ୍ରୀ ରାମ ବନବାସ', ସ୍ଥାନ: ବେଣ୍ଟପୁରସ୍ଥିତ ରାମଲୀଳା ପଡ଼ିଆ, ସମୟ: ରାତି ୧୧ଟା ୩୦।

## ପୁରୀ

- ଆଭାସି ମାଧ୍ୟମରେ ଅୟୁଷମାନ ଯୋଜନାର ଉଦ୍‌ଘାଟନ, ସ୍ଥାନ: ସୁକଳ, ମହୁରା, ରାୟଖଣ୍ଡି ପଞ୍ଚାୟତ, ସାକ୍ଷୀଗୋପାଳ, ସମୟ: ମଧ୍ୟାହ୍ନ ୨ଟା ୩୦।

## ସମ୍ବଲପୁର

- ଜିଲା ପ୍ରଶାସନ ଆୟୋଜିତ ଓଡ଼ିଶା ପକ୍ଷରେ ଯୁବ ଲେଖକ ସମ୍ମିଳନୀ, ସ୍ଥାନ : ଜ୍ୟୋତି ବିହାର ପରିସରସ୍ଥ ବିଜୁ ପଟ୍ଟନାୟକ ପ୍ରେକ୍ଷାଳୟ, ସମୟ : ପୂର୍ବାହ୍ନ ୧୦ଟା।
- କେନ୍ଦୁପତ୍ର କର୍ମଚାରୀ ସଂଘର ବୈଠକ, ସ୍ଥାନ : ସାମ୍ବାଦିକ ଭବନ, ସମୟ : ପୂର୍ବାହ୍ନ ୧୦ଟା।
- ଶ୍ରୀରାମ ନବମୀ ଉତ୍ସବରେ ବେଶ କାର୍ଯ୍ୟକ୍ରମ, ସ୍ଥାନ : ରାମଜୀ ମନ୍ଦିର, ସମୟ : ମଧ୍ୟାହ୍ନ ୧୨ଟା।

- ରୋଟାରୀ କ୍ଲବ ଆୟୋଜିତ ଅନ୍ତର୍ଜାତୀୟ ଟ୍ରେଡ ଫେୟାର, ସ୍ଥାନ : ଅଇଁଠାପାଲି ସ୍ଥିତ ପିଏଚ୍‌ଡି ପଡିଆ, ସମୟ : ଅପରାହ୍ନ ୩ଟା।
- ଗଣ୍ଡା ସମାଜର ବୈଠକ, ସ୍ଥାନ: ଜିଲା ସାମ୍ବାଦିକ ଭବନ, ସମୟ: ଅପରାହ୍ନ ୫ଟା ୩୦।
- ରାମଲୀଳା ମହୋତ୍ସବ, ସ୍ଥାନ: ବିଶାଳଖିଣ୍ଡା ଗ୍ରାମ, କବରାପାଲି ଗ୍ରାମ, ସମୟ: ସନ୍ଧ୍ୟା ୭ଟା।

## ବଲାଙ୍ଗୀର

- ବଲାଙ୍ଗୀର ଚାମ୍ପିୟନ୍ ଲିଗ୍ କ୍ରିକେଟ, ସ୍ଥାନ: ଗାନ୍ଧୀ ଷ୍ଟାଡିୟମ, ବଲାଙ୍ଗୀର, ସମୟ: ସକାଳ ୯ଟା।
- ବନଦୁର୍ଗା ମହୋତ୍ସବ ଉଦ୍‌ଯାପନୀ, ସ୍ଥାନ: ଲୋୟର ସୁକ୍‌ତେଲ ଡ୍ୟାମ ସାଇଟ୍, ମାଗୁରବେଡା, ବଲାଙ୍ଗୀର, ସମୟ: ସନ୍ଧ୍ୟା ୬ଟା।

## ରାଉରକେଲା

- ହନୁମାନ ଜୟନ୍ତୀ ପାଇଁ ପ୍ରସ୍ତୁତି ବୈଠକ, ସ୍ଥାନ: କୋଏଲନଗର ହନୁମାନ ମନ୍ଦିର, ସମୟ: ସକାଳ ୯ଟା।
- ମହିଳା ସଶକ୍ତୀକରଣକୁ ନେଇ ବାସନ୍ତିକ ପରିଷଦ ପକ୍ଷରୁ ପାଲା, ସ୍ଥାନ: ସେକ୍ଟର-୩ ପଡ଼ିଆ, ସମୟ: ସନ୍ଧ୍ୟା ୬ଟା।
- ଓଡ଼ିଆ ନବବର୍ଷ ପାଇଁ ପ୍ରସ୍ତୁତି ବୈଠକ, ସ୍ଥାନ: ଜଗଦା, ସମୟ: ସନ୍ଧ୍ୟା ୬ଟା।

## ସୁନ୍ଦରଗଡ଼

- ଓଡ଼ିଆ ପକ୍ଷ ପାଳନ ଅବସରରେ ଯୁବ ଲେଖକ ସମ୍ମିଳନୀ,ସ୍ଥାନ:ସୁନ୍ଦରଗଡ ସରକାରୀ ମହିଳା ମହାବିଦ୍ୟାଳୟ,ସମୟ:ପୂର୍ବାହ୍ନ ୧୦ଟା।
- ଆୟୁଷ୍ମାନ ଭାରତ ଯୋଜନାର ଶୁଭାରମ୍ଭ କାର୍ଯ୍ୟକ୍ରମ, ସ୍ଥାନ:ଲହୁଣୀପଡା ଉନ୍ନୀତ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର, ସମୟ: ଅପରାହ୍ନ ୨ଟା ୩୦।
- ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା କାର୍ଯ୍ୟକ୍ରମ, ସ୍ଥାନ: କୁଆଁରମୁଣ୍ଡା ବ୍ଲକର କାଦୋବାହାଲ, ଅଣ୍ଡାଳି – ଜାମବାହାଲ ଓ ରାଏବୋଗା ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ପଡିଆ, ସମୟ: ଅପରାହ୍ନ ୨ ଟା ୩୦।

## ବରଗଡ଼

- ମାଁ ଖମ୍ବେଶ୍ୱରୀ ଓ ଶାଳକା ଦେବୀଙ୍କ ନବ କଳେବର ଉତ୍ସବ, ସ୍ଥାନ: କୁରୁଆଁ, ବରଗଡ଼, ସମୟ: ସକାଳ ୮ଟା।
- ସି.ଏମ୍ ଟ୍ରଫି ଫୁଟବଲ, ସ୍ଥାନ: ଲେଙ୍ଗୁ ମିଶ୍ର ଷ୍ଟାଡ଼ିୟମ, ବରଗଡ଼, ସମୟ: ସକାଳ ୮ଟା।
- ଆୟୁଷ୍ମାନ ଭାରତ ଯୋଜନାର ଶୁଭାରମ୍ଭ ସମାରୋହ, ସ୍ଥାନ: ଗୋରୁ ମାର୍କେଟ୍, ବରଗଡ଼, ସମୟ: ଅପରାହ୍ନ ୨ଟା ୩୦।

## କଳାହାଣ୍ଡି

- ଓଡ଼ିଆ ପକ୍ଷ ପାଳନ ଉପଲକ୍ଷେ ଯୁବ ଲେଖକ ସମ୍ମିଳନୀ, ସ୍ଥାନ: ଭବାନୀପାଟଣା ମହିଳା ମହାବିଦ୍ୟାଳୟ,ସମୟ: ପୂର୍ବାହ୍ନ ୧୦ଟା।
- ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା ଶୁଭାରମ୍ଭ, ସ୍ଥାନ: ଜୁନାଗଡ଼ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର, ସମୟ: ଅପରାହ୍ନ ୩ଟା।
- ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା ଓ ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା ଶୁଭାରମ୍ଭ, ସ୍ଥାନ: ଲାଞ୍ଜିଗଡ ବ୍ଲକ ମଧୁପୁର, ଲାଞ୍ଜିଗଡ ରୋଡ ଓ ବେନଗାଁ ପିଏଚ୍‌ସି ପରିସର, ସମୟ: ଅପରାହ୍ନ ୨ଟା ୩୦।

## ବୌଦ୍ଧ

- ବୌଦ୍ଧ ରାମଲିଳା ନାଟ୍ୟ ସଂସଦ ପକ୍ଷରୁ ରାମଲିଳା ଯାତ୍ରାର ଷଷ୍ଠ ଦିନ ନାଟକ ସୀତା ଚୋରୀ, ସ୍ଥାନ: ରଘୁନାଥ ମନ୍ଦିର ପରିସର ପଡିଆ,ବୌଦ୍ଧ, ସମୟ: ରାତି ୯ଟା।
- ବହିରା ରାମଲିଳା ନାଟ୍ୟ ସଂସଦ ପକ୍ଷରୁ ରାମଲିଳା ଯାତ୍ରାର ଷଷ୍ଠ ଦିବସ ନାଟକ ଭରତ ମିଳନ,ସ୍ଥାନ:ବହିରା ରାମଲିଳା ମଣ୍ଡପ,ବହିରା,ସମୟ: ରାତି ୯ଟା।

## ଦେବଗଡ଼

- ଯୁବ ଲେଖକ ସମ୍ମିଳନୀ, ସ୍ଥାନ: କୃଷି ଅଧିକାରୀଙ୍କ ସମ୍ମିଳନୀ କକ୍ଷ, ସମୟ: ପୂର୍ବାହ୍ନ ୧୦ଟା।
- ଶ୍ରୀ ରାମନବମୀ ମହୋତ୍ସବ ପୂଜା, ସ୍ଥାନ: ଗୋପାଳଜୀ ମନ୍ଦିର, ଦେବଗଡ଼, ସମୟ: ପୂର୍ବାହ୍ନ ୧୦ଟା।
- ଆନ୍ତଃ କ୍ଲବ୍ ଜିଲାସ୍ତରୀୟ ଫୁଟ୍‌ବଲ୍ ଚାମ୍ପିୟନଶିପ୍ ଫର୍ ସିଏମ୍ ଟ୍ରଫି, ସ୍ଥାନ: ଇନ୍ଦିରା ଗାନ୍ଧୀ ଷ୍ଟାଡିୟମ, ଦେବଗଡ଼, ସମୟ: ଅପରାହ୍ନ ୪ଟା।
- ମା' କନକ ଦୁର୍ଗାଙ୍କ ସନ୍ଧ୍ୟା ଆଳତି, ସ୍ଥାନ: ମଠସାହି, ମା' କନକ ଦୁର୍ଗା ମନ୍ଦିର, ସମୟ: ସନ୍ଧ୍ୟା ୭ଟା।
- ଶ୍ରୀ ରାମନବମୀ ମହୋତ୍ସବ ଅବସରରେ ପ୍ରବଚନ, ଆଳତି ଓ ସମୂହ ହନୁମାନ ଚାଳିଶାପାଠ, ସ୍ଥାନ: ଗୋପାଳଜୀ ମନ୍ଦିର, ଦେବଗଡ଼, ସମୟ: ସନ୍ଧ୍ୟା ୭ଟା।

## ସୁବର୍ଣ୍ଣପୁର

- ଓଡ଼ିଆ ପକ୍ଷ ଅବସରରେ ଯୁବ ଲେଖକ ସମ୍ମିଳନୀ, ସ୍ଥାନ: ଜିଲା ସଂସ୍କୃତି ଭବନ, ସମୟ: ସକାଳ ୯ଟା।
- ବୀରମହାରାଜପୁରରେ ୩ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଆୟୁଷ୍ମାନ ଭାରତ ଯୋଜନା ଶୁଭାରମ୍ଭ, ସ୍ଥାନ: ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ହରିହର ଯୋର୍, ମୁର୍ଷୁଣ୍ଡୀ ଖେଳ ପଡ଼ିଆ, ସୁବଳୟା ଖେଳ ପଡ଼ିଆ, ସମୟ: ଅପରାହ୍ନ ୨ଟା
- ମୁଖ୍ୟମନ୍ତ୍ରୀ ଆନ୍ତଃକ୍ଲବ ଫୁଟବଲ୍ ଚାମ୍ପିୟନଶିପ୍‌ର ଚତୁର୍ଥ ଦିବସ, ସ୍ଥାନ: ସୋନପୁର ଗାନ୍ଧୀ ଷ୍ଟାଡିୟମ, ସମୟ: ଅପରାହ୍ନ ୪ଟା।
- ତରଭା ବ୍ଲକ ରାଏକେଡାରେ ରାମଲୀଳାର ଷଷ୍ଠ ଦିବସରେ ତୁଳସୀ ରାମାୟଣ ପଠନ ଓ ନାଟକ ସୀତା ଠାବ ପରିବେଷଣ, ସ୍ଥାନ: ଶ୍ରୀରାମ ମଣ୍ଡପ, ସମୟ: ରାତି ୮ଟା।
- ତରଭା ବ୍ଲକ ସରଗଜରେ ରାମନବମୀର ଷଷ୍ଠ ଦିବସ ଓ ସୀତା ଠାବ ନାଟକ ପରିବେଷଣ, ସ୍ଥାନ: ଗ୍ରାମ ସ୍ଥିତ ମଣ୍ଡପ, ସମୟ: ରାତି ୯ଟା।
- ତରଭା ବ୍ଲକ ନକଟିକେନା ଗାଁରେ ରାମଲୀଳାର ଷଷ୍ଠ ସନ୍ଧ୍ୟା ଓ ସୀତା ଠାବ ନାଟକ ପରିବେଷଣ, ସ୍ଥାନ: ଗ୍ରାମ ରାମଲୀଳା ମଣ୍ଡପ, ସମୟ: ରାତି ୯ଟା।

## ନୂଆପଡ଼ା

- ଷୋହଳପ୍ରହର ଅଖଣ୍ଡ ନାମଯଜ୍ଞ ନାମଧାରଣ ଓ ଆଳତି, ସ୍ଥାନ: କୋମନା ବ୍ଲକ ବୃନ୍ଦି କୋମନା ପଞ୍ଚାୟତ ଡୋଙ୍ଗରିପାଲି ଗାଁ, ସମୟ: ପ୍ରାତଃ ୪ଟା ୩୦।
- ଜିଲାସ୍ତରୀୟ କବି ସମ୍ମିଳନୀ, ସ୍ଥାନ: ଜିଲା ଶିକ୍ଷା, କ୍ରୀଡା ଓ ଯୁବସେବା ବିଭାଗ ନୂଆପଡା, ସମୟ: ପୂର୍ବାହ୍ନ ୧୦ଟା।
- ଷୋହଳପ୍ରହର ନାମଯଜ୍ଞ ପୂର୍ଣ୍ଣାହୁତି, ସ୍ଥାନ: କୋମନା ବ୍ଲକ କୁରୁମପୁରି ପଞ୍ଚାୟତ ଦଳଦଳି ଗାଁ, ସମୟ: ସକାଳ ୯ଟା ୧୪।
- ପ୍ରଭୁଦାସ ଶ୍ରୀ ଶ୍ରୀ ଅନନ୍ତ ଚରଣ ଆଚାର୍ଯ୍ୟଙ୍କ ସ୍ୱଧର୍ମଚେତନା ରାମକଥା କାର୍ଯ୍ୟକ୍ରମ ୫ମ ସନ୍ଧ୍ୟା, ସ୍ଥାନ: କୋମନା ବ୍ଲକ ତରବୋଡ ଗାଁ ସାପ୍ତାହିକ ବଜାର ପଡିଆ, ସମୟ: ସନ୍ଧ୍ୟା ୭ଟା।
- ଷୋହଳପ୍ରହର ଅଖଣ୍ଡ ନାମଯଜ୍ଞ ନାମଧାରଣ ଓ ଆଳତି, ସ୍ଥାନ: କୋମନା ବ୍ଲକ ଜଟଗଡ ପଞ୍ଚାୟତ ଭରୁଆମୁଣ୍ଡା ଗାଁ, ସମୟ: ପ୍ରାତଃ ୫ଟା।
- ଷୋହଳପ୍ରହର ନାମଯଜ୍ଞ ଉପଲକ୍ଷେ ଭଣ୍ଡାରା କାର୍ଯ୍ୟକ୍ରମ, ସ୍ଥାନ: କୋମନା ବ୍ଲକ କୁରୁମପୁରି ପଞ୍ଚାୟତ ଦଳଦଳି ଗାଁ, ସମୟ: ମଧ୍ୟାହ୍ନ ୧୨ଟା।
- ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା ଓ ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା ଆରମ୍ଭ, ସ୍ଥାନ: ନୂଆପଡା ଜିଲାର ବିଭିନ୍ନ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଓ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର, ସମୟ: ଅପରାହ୍ନ ୨ଟା ୩୦।

## ଝାରସୁଗୁଡ଼ା

- ଚଣ୍ଡୀପାଠ ଓ ଷୋଳ ଉପଚାର ପୂଜା, ସ୍ଥାନ: ବେହେରାମାଲ ଦୁର୍ଗା ମନ୍ଦିର, ସମୟ: ସକାଳ ୭ଟା।
- ଚବିଶ ପ୍ରହର ନାମଯଜ୍ଞ, ସ୍ଥାନ: ଦେଓପାଲି ଯଜ୍ଞ ମଣ୍ଡପ, ସମୟ: ସକାଳ ୭ଟା।
- ଶନି ମନ୍ଦିର ପ୍ରତିଷ୍ଠା ଉତ୍ସବ, ସ୍ଥାନ: ଅମାପାଲି, ସମୟ: ସକାଳ ୮ଟା।
- ୨୪ ପ୍ରହର ନାମ ସଂକୀର୍ତ୍ତନ, ସ୍ଥାନ: ସାଗରପାଲି ନାମ ମଣ୍ଡପ, ସମୟ: ସକାଳ ୮ଟା।
- ଆୟୁଷ୍ମାନ ଭାରତ ଯୋଜନାର ଭିଡିଓ କନ୍‌ଫରେନ୍ସ କାର୍ଯ୍ୟକ୍ରମ, ସ୍ଥାନ: ମଙ୍ଗଳବଜାର ସ୍ପୋର୍ଟ୍ସ ଅଡିଟୋରିୟମ୍, ସମୟ: ସକାଳ ୯ଟା।
- ୨୪ ପ୍ରହର ନାମ ସଂକୀର୍ତ୍ତନ, ସ୍ଥାନ: କାଲୋପତ୍ରା ନାମ ମଣ୍ଡପ, ସମୟ: ସକାଳ ୯ଟା।
- ସମର୍ଥ ମେମୋରିଆଲ କ୍ରିକେଟ ଟୁର୍ନାମେଣ୍ଟ, ସ୍ଥାନ: ସରବାହାଲ ଖେଳ ପଡ଼ିଆ, ସମୟ: ଅପରାହ୍ନ ୩ଟା।

## ବାଲେଶ୍ୱର

- ଯୁବ ଲେଖକ ସମ୍ମିଳନୀ ଉଦ୍‌ଘାଟନୀ, ସ୍ଥାନ: ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ, ବାଲେଶ୍ୱର, ସମୟ: ସକାଳ ୯ଟା।
- ଆୟୁଷ୍ମାନ ଯୋଜନା, ସ୍ଥାନ: ସିମୁଳିଆ ବ୍ଲକ ପରିସର, ସିମୁଳିଆ, ସମୟ: ପୂର୍ବାହ୍ନ ୧୧ଟା।
- ପ୍ରଜ୍ଞାଭାରତୀ ଶିକ୍ଷାକେନ୍ଦ୍ରର ବାର୍ଷିକ ଉତ୍ସବ, ସ୍ଥାନ: ବାହାର୍ଦ୍ଦା, ବସ୍ତା, ସମୟ: ଅପରାହ୍ନ ୨ଟା।
- ସିଏମ୍ ଟ୍ରଫି ଜିଲାସ୍ତରୀୟ ଫୁଟବଲ ଚାମ୍ପିୟନଶିପ୍ ପଞ୍ଚମ ଦିବସ, ସ୍ଥାନ: ସ୍ପୋର୍ଟ୍ସ ହଷ୍ଟେଲ ଗ୍ରାଉଣ୍ଡ, ଭୀମପୁରା, ବାଲେଶ୍ୱର, ସମୟ: ଅପରାହ୍ନ ୩ଟା।
- ବାଲେଶ୍ୱର ପ୍ରିମିୟର ଲିଗ୍‌ର ଦ୍ୱିତୀୟ ଦିବସ, ସ୍ଥାନ: ପରମିଟ୍ ପଡ଼ିଆ, ବାଲେଶ୍ୱର, ସମୟ: ଅପରାହ୍ନ ୩ଟା।
- ଯୁବ ଲେଖକ ସମ୍ମିଳନୀର ପୁରସ୍କାର ବିତରଣ ଉତ୍ସବ, ସ୍ଥାନ: ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ, ବାଲେଶ୍ୱର, ସମୟ: ଅପରାହ୍ନ ୪ଟା।



ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂଦେଓ ଆୟୁଷ୍ମାନ୍ ଭାରତ ଯୋଜନାର ଉଦ୍‌ଘାଟନ କାର୍ଯ୍ୟକ୍ରମ ସମୀକ୍ଷା କରୁଛନ୍ତି।

**ପ୍ରଥମ ପୃଷ୍ଠାରୁ...**

### ଆଜିଠୁ ଆୟୁଷ୍ମାନ...

ହସ୍ପିଟାଲରେ ମାଗଣା ଚିକିତ୍ସା ସେବା ଯୋଗାଇ ଦିଆଯାଉଥିଲା। ଫଳରେ ବହୁ ଲୋକ ସ୍ୱାସ୍ଥ୍ୟସେବାରୁ ବଞ୍ଚିତ ହେଉଥିଲେ। ରାଜ୍ୟରେ ଆୟୁଷ୍ମାନ୍ ଭାରତ ଯୋଜନା ଶୁଭାରମ୍ଭ ହେବା ପରେ ରାଜ୍ୟ ଓ ବାହାରେ ରହୁଥିବା ଓଡ଼ିଆ ଲୋକଙ୍କୁ ମାଗଣାରେ ଉନ୍ନତମାନର ଚିକିତ୍ସା ସେବା ମିଳିପାରିବ। ଦେଶର ୨୯ ହଜାର ହସ୍ପିଟାଲରେ ଏହି ସେବା ଉପଲବ୍ଧ ହେବ। ଆୟୁଷ୍ମାନ ବୟୋବନ୍ଦନା ଯୋଜନାରେ ୭୦ ବର୍ଷ ବା ତଦୂର୍ଦ୍ଧ୍ୱ ବୟୋଜ୍ୟେଷ୍ଠ ନାଗରିକଙ୍କୁ ବିନା କୌଣସି ମାନଦଣ୍ଡରେ ଏହି ସେବା ଯୋଗାଇ ଦିଆଯିବ। ଆୟୁଷ୍ମାନ୍ ଭାରତ ଯୋଜନାରେ ପରିବାର ପିଛା ଗୋଟିଏ କାର୍ଡ ଦିଆ ନ ଯାଇ ବ୍ୟକ୍ତିଗତ ଭାବେ ସମସ୍ତଙ୍କୁ ପ୍ରଦାନ କରାଯିବ। ରାଜ୍ୟରେ ଭାଜପା ସରକାର ଗଠନ ହେବା ପରେ ସ୍ୱାସ୍ଥ୍ୟ କ୍ଷେତ୍ରରେ ନୂତନ ଯୁଗର ଶୁଭାରମ୍ଭ ହେବାକୁ ଯାଉଛି। ପୁରୀରେ ହେବାକୁ ଥିବା 'ବିଧାୟକ ଓ ଏମ୍‌ପି ପ୍ରଶିକ୍ଷଣ' କାର୍ଯ୍ୟକ୍ରମ ୧୧ ତାରିଖ ସନ୍ଧ୍ୟାରୁ ୧୩ ତାରିଖ ସନ୍ଧ୍ୟା ପର୍ଯ୍ୟନ୍ତ ଚାଲିବ। ୧୨ ତାରିଖ ସକାଳେ ନଡ୍ଡା ବିଧିବଦ୍ଧଭାବେ ଏହାକୁ ଉଦ୍‌ଘାଟନ କରିବେ। ଏହି ଶିବିରରେ ସାଂଗଠନିକ, ପ୍ରଶାସନିକ, ବିଚାରଧାରା ସମ୍ପର୍କରେ ପ୍ରଶିକ୍ଷଣ ଦିଆଯିବ। ନଡ୍ଡାଙ୍କ ଏହି ୨ ଦିନର ବ୍ୟସ୍ତବହୁଳ କାର୍ଯ୍ୟକ୍ରମ ଓଡ଼ିଶାର ଜନସାଧାରଣଙ୍କ ପାଇଁ ଏକ ସ୍ମରଣୀୟ ହୋଇ ରହିବ ବୋଲି ସେ କହିଛନ୍ତି। ସୂଚନାଯୋଗ୍ୟ, ଉକ୍ତ କାର୍ଯ୍ୟକ୍ରମରେ ୩ କେନ୍ଦ୍ରମନ୍ତ୍ରୀ ମଧ୍ୟ ସାମିଲ ହେବେ ବୋଲି ଜଣାପଡ଼ିଛି।

ଅପରପକ୍ଷରେ ଗୁରୁବାର ମଧ୍ୟାହ୍ନରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା ବାଲିଯାତ୍ରା ପଡିଆରେ ପହଞ୍ଚି ସମସ୍ତ କାର୍ଯ୍ୟର ସମୀକ୍ଷା କରିଛନ୍ତି। ସେହିପରି ଅପରାହ୍ନରେ ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂଦେଓ ଏବଂ ପୋଲିସ କମିଶନର ଏସ୍. ଦେବଦତ୍ତ ସିଂ ବାଲିଯାତ୍ରା ପଡିଆରେ ପହଞ୍ଚି ବିଭିନ୍ନ କାର୍ଯ୍ୟର ସ୍ଥିତି ସମୀକ୍ଷା କରିବା ସହ ବ୍ୟବସ୍ଥା ସମ୍ପର୍କରେ ପଚାରି ବୁଝିଛନ୍ତି। ସମୀକ୍ଷା ପରେ ପ୍ରଭାତୀ କହିଛନ୍ତି, ବାଲିଯାତ୍ରା ପଡିଆରେ ପ୍ରାୟ ୨୫ ହଜାର ଲୋକଙ୍କ ପାଇଁ ବ୍ୟବସ୍ଥା କରାଯାଇଛି। ଆୟୁଷ୍ମାନ୍ ଭାରତ ଯୋଜନାରେ ଦେଶର ସମସ୍ତ ହସ୍ପିଟାଲରେ ଲୋକମାନେ ଯେପରି ଚିକିତ୍ସା ସୁବିଧା ପାଇପାରିବେ, ସେଥିପାଇଁ ଲକ୍ଷ୍ୟ ରଖାଯାଇଛି। ଶୁଭାରମ୍ଭ କାର୍ଯ୍ୟକ୍ରମରେ ୧୫ରୁ ୨୦ ଜଣଙ୍କୁ ଏହି କାର୍ଡ ପ୍ରଦାନ କରାଯିବ। ପରେ ସମସ୍ତ ପିଏଚ୍‌ସି ଓ ସିଏଚ୍‌ସିରେ ଏହି କାର୍ଡ ବଣ୍ଟନ କରାଯିବ। ପୂର୍ବରୁ ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା(ବିଏସ୍‌କେୱାଇ) କାର୍ଡ ଥିଲା, ହେଲେ ସେଥିରେ ଦୁର୍ନୀତି କରାଯାଉଥିଲା ; କିନ୍ତୁ ଏହି ଆୟୁଷ୍ମାନ୍ କାର୍ଡରେ କେବଳ ସେବା ଲୋକଙ୍କ ପାଖରେ ପହଞ୍ଚିବ। ଏଥିସହ ୭୦ ବର୍ଷରୁ ଊର୍ଦ୍ଧ୍ୱ ବୟସର ଲୋକଙ୍କ ପାଇଁ ଅନ୍ୟ ବ୍ୟବସ୍ଥା ରହିଛି। ଆସନ୍ତା ୧ ମାସ ମଧ୍ୟରେ ସମସ୍ତ ଲୋକଙ୍କ ପାଖରେ ଏହି କାର୍ଡର ସୁବିଧା ପହଞ୍ଚିବା ପାଇଁ ଲକ୍ଷ୍ୟ ରଖାଯାଇଥିବା ପ୍ରଭାତୀ କହିଛନ୍ତି।

- ବିଭିନ୍ନ କାର୍ଯ୍ୟର ସମୀକ୍ଷା କଲେ ୨ ଉପମୁଖ୍ୟମନ୍ତ୍ରୀ
- ୧୨ରେ ଏମ୍‌ପି, ବିଧାୟକଙ୍କ ପ୍ରଶିକ୍ଷଣ ଶିବିର ଉଦ୍‌ଘାଟନ କରିବେ କେନ୍ଦ୍ର ସ୍ୱାସ୍ଥ୍ୟମନ୍ତ୍ରୀ
- ୧୧ରୁ ୧୩ ସନ୍ଧ୍ୟା ପର୍ଯ୍ୟନ୍ତ ଚାଲିବ ପ୍ରଶିକ୍ଷଣ ଶିବିର

ସେହିପରି କନକବର୍ଦ୍ଧନ ସିଂଦେଓ କହିଛନ୍ତି, କଟକ ବାଲିଯାତ୍ରା ପଡ଼ିଆରେ ଅପରାହ୍ନ ପ୍ରାୟ ୨ଟାରେ କେନ୍ଦ୍ରମନ୍ତ୍ରୀ ଜେ.ପି. ନଡ୍ଡା ପହଞ୍ଚି ଆୟୁଷ୍ମାନ୍ ଭାରତ ଯୋଜନାର ଶୁଭାରମ୍ଭ କରିବେ। ଏହାପରେ ସେ ଶିଶୁଭବନ ନୂତନ କୋଠାକୁ ଉଦ୍‌ଘାଟନ କରିବେ। ପ୍ରଥମ ପର୍ଯ୍ୟାୟରେ ଓଡ଼ିଶା ଓ ଦିଲ୍ଲୀରେ ଏହି କାର୍ଡ ଲାଗୁ କରାଯିବ। ଓଡ଼ିଶାର ସାଢ଼େ ୩ କୋଟି ଲୋକ ଏହି କାର୍ଡର ସୁବିଧା ପାଇବେ ବୋଲି ସିଂଦେଓ କହିଛନ୍ତି। ଏହି ସମୀକ୍ଷା କାର୍ଯ୍ୟକ୍ରମରେ କଟକ ଜିଲାପାଳ ଦତ୍ତାତ୍ରୟ ଭାଉସାହେବ ସିନ୍ଦେ, ଅତିରିକ୍ତ ଜିଲାପାଳ ଶିବ ଟପ୍ପୋ, କଟକ ଡିସିପି ଖିଲାରୀ ଋଷିକେଶ ଦ୍ୟାନ୍‌ଦେଓଙ୍କ ସମେତ ଅନ୍ୟ ପ୍ରଶାସନିକ ଅଧିକାରୀ ଉପସ୍ଥିତ ଥିଲେ।

# ଆଜିଠୁ ଓଟିଟିରେ 'ଛାବା'



**ମୁମ୍ବାଇ:** ଅଭିନେତା ଭିକି କୌଶଲ ଓ ଅଭିନେତ୍ରୀ ରଶ୍ମିକା ମନ୍ଦାନାଙ୍କର 'ଛାବା' ଫିଲ୍ମକୁ ବକ୍ସ ଅଫିସ୍‌ରେ ଢ଼େର ସଫଳତା ମିଳିଛି। ତେବେ ବଡ଼ ପରଦା ପରେ ଏବେ ଏହି ଫିଲ୍ମ ଓଟିଟିରେ ରିଲିଜ୍ ହେବାକୁ ଯାଉଛି। ଶୁକ୍ରବାରଠାରୁ 'ଛାବା' ଓଟିଟି ପ୍ଲାଟଫର୍ମ ନେଟ୍‌ଫ୍ଲିକ୍ସରେ ଷ୍ଟ୍ରିମିଂ ହେବ। ଏନେଇ ଫିଲ୍ମର ପ୍ରଡକ୍ସନ କମ୍ପାନୀ ମେଡକ୍ ଫିଲ୍ମସ୍ ପକ୍ଷରୁ ଇନ୍‌ଷ୍ଟାଗ୍ରାମରେ ଏକ ପୋଷ୍ଟ ଶେୟାର କରାଯାଇ ସୂଚନା ଦିଆଯାଇଛି। ଏହି ପୋଷ୍ଟକୁ ନେଟ୍‌ଫ୍ଲିକ୍ସ ମଧ୍ୟ ରି-ଶେୟାର କରିଛି।

ଗତ ଫେବୃଆରୀ ୧୪ରେ ଲକ୍ଷ୍ମଣ ଉଟେକରଙ୍କ ନିର୍ଦ୍ଦେଶିତ 'ଛାବା' ଫିଲ୍ମ ପ୍ରେକ୍ଷାଳୟରେ ରିଲିଜ୍ ହୋଇଥିଲା। ରିଲିଜ୍ ହେବା ପରଠାରୁ ଏହା ବକ୍ସ ଅଫିସରେ ଧମାଲ ମଚାଇବା ଆରମ୍ଭ କରିଥିଲା। ବର୍ତ୍ତମାନ ସୁଦ୍ଧା ଏହି ଫିଲ୍ମ ବିଶ୍ୱବ୍ୟାପୀ ୮୦୪.୮୫ କୋଟି ଟଙ୍କା ସଂଗ୍ରହ କରିଥିବା ବେଳେ କେବଳ ଭାରତୀୟ ସିନେମା ହଲଗୁଡ଼ିକରୁ ଏହି ଫିଲ୍ମ ୫୯୯.୨ କୋଟି ଟଙ୍କାର ରୋଜଗାର କରିଛି।

### ୨୮ ଆଇଏଏସ୍...

ଅନୁସୂଚିତ ଜାତି ନିର୍ଦ୍ଦେଶକ ଲକ୍ଷ୍ମଣ କୁମାର ମଲ୍ଲିକ, ଚକବନ୍ଦୀ ଓ ବନ୍ଦୋବସ୍ତ ଅତିରିକ୍ତ ଆୟୁକ୍ତ ଉପମା କାଲୋଙ୍କୁ ଆଏଏସ୍‌କୁ ପଦୋନ୍ନତି ପରେ ତାଙ୍କ ପଦରେ ପୁନଃ ଅବସ୍ଥାପିତ କରାଯାଇଥିବାବେଳେ ରାଜସ୍ୱ ବିଭାଗ ସ୍ୱତନ୍ତ୍ର ସଚିବ ଲିଲି କୁମାରୀ କୁଲୁଙ୍କୁ ଉକ୍ତ ବିଭାଗର ଯୁଗ୍ମସଚିବ, ଦେବଗଡ଼ ଜିଲାପାଳ କବୀନ୍ଦ୍ର କୁମାର ସାହୁ, ଅତିରିକ୍ତ ରିଭିଜନାଲ କୋର୍ଟ(ଭୁବନେଶ୍ୱର)ର ଅତିରିକ୍ତ ଆୟୁକ୍ତ ପ୍ରଦୀପ କୁମାର ନାୟକ, ନୂଆପଡ଼ା ଜିଲାପାଳ ମଧୁସୂଦନ ଦାଶ, ଆୟୁଷ ନିର୍ଦ୍ଦେଶକ ପ୍ରେମଜିତ୍ ନାୟକ, ଜଳସମ୍ପଦ ବିଭାଗ ସ୍ୱତନ୍ତ୍ର ସଚିବ ନରହରି ସେଠୀ, ପଛୁଆବର୍ଗ ନିର୍ଦ୍ଦେଶକ ଯୁଗଳେଶ୍ୱରୀ ଦାଶଙ୍କୁ ତାଙ୍କ ପଦରେ ପୁନଃ ଅବସ୍ଥାପିତ କରାଯାଇଛି। ସେହିପରି ହସ୍ତତନ୍ତ ଓ ବୟନଶିଳ୍ପ ବିଭାଗ ସ୍ୱତନ୍ତ୍ର ସଚିବ ମଧୁମିତା ରଥଙ୍କୁ ଉକ୍ତ ବିଭାଗର ଯୁଗ୍ମସଚିବ ସହିତ ଉତ୍କଳିକାର ପରିଚାଳନା ନିର୍ଦ୍ଦେଶକ ଭାବେ ଅତିରିକ୍ତ ଦାୟିତ୍ୱ ପ୍ରଦାନ କରାଯାଇଥିବାବେଳେ ନଗର ଉନ୍ନୟନ ବିଭାଗ ସ୍ୱତନ୍ତ୍ର ସଚିବ ଦେବାଶିଷ ସିଂହଙ୍କୁ ଉକ୍ତ ବିଭାଗର ଯୁଗ୍ମସଚିବ, ବୌଦ୍ଧ ଜିଲାପାଳ ସୁବ୍ରତ କୁମାର ପଣ୍ଡାଙ୍କୁ ଆଇଏଏସ୍‌କୁ ପଦୋନ୍ନତି ପରେ ପୁନଃ ଅବସ୍ଥାପିତ କରାଯାଇଛି। ଏହାସହିତ ସଂସଦୀୟ ବ୍ୟାପାର ବିଭାଗ ସ୍ୱତନ୍ତ୍ର ସଚିବ ପ୍ରତାପ କୁମାର ହୋତାଙ୍କୁ ଉକ୍ତ ବିଭାଗର ଯୁଗ୍ମସଚିବ ଭାବେ ପୁନଃ ଅବସ୍ଥାପିତ କରାଯାଇଥିବାବେଳେ ଶକ୍ତି ବିଭାଗ ସ୍ୱତନ୍ତ୍ର ସଚିବ ନିବେଦିତା ମିଶ୍ରଙ୍କୁ ଉକ୍ତ ବିଭାଗର ଯୁଗ୍ମସଚିବ, ଗ୍ରାମ୍ୟ ଉନ୍ନୟନ ବିଭାଗ ସ୍ୱତନ୍ତ୍ର ସଚିବ ରେଗା ଗୀତାରାଣୀ ପଟ୍ଟନାୟକଙ୍କୁ ଉକ୍ତ ବିଭାଗର ଯୁଗ୍ମସଚିବ, ଅବକାରୀ ବିଭାଗ ସ୍ୱତନ୍ତ୍ର ସଚିବ ଅର୍ଚ୍ଚନା ଦାସ ପଟ୍ଟନାୟକଙ୍କୁ ଉକ୍ତ ବିଭାଗର ଯୁଗ୍ମସଚିବ, ଖାଦ୍ୟଯୋଗାଣ ଓ ଖାଉଟି କଲ୍ୟାଣ ବିଭାଗ ସ୍ୱତନ୍ତ୍ର ସଚିବ ଅଞ୍ଜନା ପଣ୍ଡାଙ୍କୁ ଉକ୍ତ ବିଭାଗର ଯୁଗ୍ମସଚିବ, ଗୃହବିଭାଗ ସ୍ୱତନ୍ତ୍ର ସଚିବ ନିବେଦିତା ପୃଷ୍ଟିଙ୍କୁ ଉକ୍ତ ବିଭାଗର ଯୁଗ୍ମସଚିବ, ମହିଳା ଓ ଶିଶୁ ବିକାଶ ବିଭାଗ ସ୍ୱତନ୍ତ୍ର ସଚିବ ସ୍ୱୟଂ ପ୍ରଭା ମହାନ୍ତିଙ୍କୁ ଉକ୍ତ ବିଭାଗର ଯୁଗ୍ମସଚିବ, ଖାଦ୍ୟଯୋଗାଣ ଓ ଖାଉଟି କଲ୍ୟାଣ ବିଭାଗର ସ୍ୱତନ୍ତ୍ର ସଚିବ ସୁଦାମ ଚରଣ ମଣ୍ଡଳଙ୍କୁ ଉକ୍ତ ବିଭାଗର ଯୁଗ୍ମସଚିବ ଏବଂ ଗଣଶିକ୍ଷା ବିଭାଗ ସ୍ୱତନ୍ତ୍ର ସଚିବ ଗିରିଶ ଚନ୍ଦ୍ର ସିଂହଙ୍କୁ ଉକ୍ତ ବିଭାଗର ଯୁଗ୍ମସଚିବ ଭାବେ ପୁନଃ ଅବସ୍ଥାପିତ କରାଯାଇଛି।

### ୧୨୮ ବର୍ଷ ପରେ...

ଫ୍ଲାଗ ଫୁଟବଲ, ଲାକରୋସେ (ସିକ୍ସେସ) ଓ ସ୍କ୍ୱାଶକୁ ମଞ୍ଜୁରୀ ମିଳିଥିଲା। ଆଇଓସିର କାର୍ଯ୍ୟନିର୍ବାହୀ ପରିଷଦ (ଇବି) ୨୦୨୮ ଅଲିମ୍ପିକ୍ସ ଲାଗି ଇଭେଣ୍ଟ ପ୍ରୋଗ୍ରାମ ଓ ଆଥଲେଟ୍ କୋଟାକୁ ମଞ୍ଜୁରୀ ଦେଇଛି। ୨୦୨୪ ପ୍ୟାରିସ ଅଲିମ୍ପିକ୍ସଠାରୁ ଲସ୍‌ଏଞ୍ଜେଲ୍ସ ସଂସ୍କରଣରେ ୨୮ଟି ଅଧିକ ପଦକ ଇଭେଣ୍ଟ ସାମିଲ କରାଯାଇଛି। ଆଇଓସି ରେକର୍ଡ ୩୫୧ ପଦକ ଇଭେଣ୍ଟ ଓ ୧୦,୫୦୦ ଆଥଲେଟ୍ କୋଟାକୁ ମଞ୍ଜୁରୀ ପ୍ରଦାନ କରିଛି। ୫ ଅତିରିକ୍ତ ସ୍ପୋର୍ଟ୍ସ ଇଭେଣ୍ଟ ଲାଗି ଅଧିକ ୬୯୮ କୋଟା ଦିଆଯାଇଛି। ଇତିହାସରେ ପ୍ରଥମ ଥର ପାଇଁ ସମସ୍ତ ଦଳଗତ ଇଭେଣ୍ଟର ଉଭୟ ପୁରୁଷ ଓ ମହିଳା ବିଭାଗରେ ସମାନ ସଂଖ୍ୟକ ଦଳ ଭାଗ ନେବେ।

### ପାଣି ନାହିଁ ବୋଲି...

ମିଳୁ ନ ଥିବା ଗ୍ରାମବାସୀ ପ୍ରମାନନ୍ଦ ନାଗ କହିଛନ୍ତି। ଏହି ସମସ୍ୟା ପାଇଁ ଗାଁକୁ କେହି ଝିଅ ଦେବାକୁ ରାଜି ହେଉନାହାନ୍ତି। ଯଦି ଅନ୍ୟ ଗାଁ ଝିଅ ଏଠାକୁ ବାହା ହୋଇ ଆସୁଛନ୍ତି ଏହି ଅସୁବିଧା ଯୋଗୁ ଶାଶୁ ଘର ଛାଡ଼ି ବାପଘରକୁ ଚାଲିଯାଉଛନ୍ତି। ଗାଁର ରାଏସିଙ୍ଗ ନାୟକ କହିଛନ୍ତି, ସେ ଅନ୍ୟ ଗ୍ରାମର ଝିଅଙ୍କୁ ବାହା ହୋଇଥିଲେ। ତାଙ୍କର ପୁଅଟିଏ ମଧ୍ୟ ହେଲା। କିନ୍ତୁ ପାଣି ସମସ୍ୟାର ସମ୍ମୁଖୀନ ହୋଇ ୮ ମାସର ପୁଅ ଓ ପରିବାରକୁ ଛାଡ଼ି ସ୍ତ୍ରୀ ଚାଲିଯାଇଥିବା ରାଏସିଙ୍ଗ କହିଛନ୍ତି। ତୁରନ୍ତ ପାଣି ସମସ୍ୟା ଦୂର କରିବାକୁ ଗ୍ରାମବାସୀ ଦାବି କରିଛନ୍ତି। ଏପରି ନ ହେଲେ ଆଗାମୀ ଦିନରେ ଆନ୍ଦୋଳନ କରାଯିବ ବୋଲି ସମୀର ହରିଜନଙ୍କ ସମେତ ଗ୍ରାମବାସୀ ଚେତାବନୀ ଦେଇଛନ୍ତି। ଏ ସମ୍ପର୍କରେ ଗ୍ରାମ୍ୟ ପାନୀୟଜଳ ଯୋଗାଣ ଅଧୀକ୍ଷଣ ଯନ୍ତ୍ରୀ ପ୍ରତୀକ କୁମାର ରାଉତଙ୍କୁ ପଚାରିବାରୁ ବଡ଼ବାର୍ଲି ଗ୍ରାମଟି ରେଡ୍ ଜୋନ୍‌ରେ ଥିବାବେଳେ ପାଣି ସମସ୍ୟା ରହିଥିବା ସେ ସ୍ୱୀକାର କରିଛନ୍ତି। ତେବେ ସେଠାରେ ମେଗା ପାନୀୟଜଳ ପ୍ରକଳ୍ପରେ ଗାଁକୁ ଜଳ ଯୋଗାଣ ଯୋଜନା ରହିଥିଲେ ମଧ୍ୟ ଜାତୀୟ ରାଜପଥ ବିଭାଗ ପାଇପ୍ ବିଛାଇବା ଲାଗି ଅନୁମତି ଦେଉ ନ ଥିବାରୁ ସମସ୍ୟା ହେଉଛି। ଜିଲା ପ୍ରଶାସନ ପକ୍ଷରୁ ଉଦ୍ୟମ କରାଯାଇ ଜୁନ୍ ମାସ ସୁଦ୍ଧା ଗାଁର ପାନୀୟଜଳ ସମସ୍ୟା ଦୂର କରାଯିବ। ସେହିଭଳି ଖରାଦିନ ସାରା ଟ୍ୟାଙ୍କର ଯୋଗେ ଗ୍ରାମରେ ଜଳ ଯୋଗାଣ କରାଯାଇ ପାଣି ସମସ୍ୟା ସମାଧାନ କରାଯିବ ବୋଲି ସେ କହିଛନ୍ତି।

# ଆଜିର ରାଶିଫଳ

ଜ୍ୟୋତିର୍ବିଦ୍ୟା ବିଶାରଦ ପ୍ରସନ୍ନ କୁମାର ମହାପାତ୍ର
ମଙ୍ଗରାଜପୁର ଶାସନ, କାଦୁଆ, ଗଞ୍ଜାମ
Email-pkmahapatro@gmail.com

**ମେଷ**: ଆଜି ଷଷ୍ଠ ସ୍ଥାନରେ ଚନ୍ଦ୍ର ପାପଗ୍ରହ କେତୁ ଯୁକ୍ତ ହେତୁ ବିଭିନ୍ନ କାରଣକୁ କେନ୍ଦ୍ରକରି ମାନସିକ ସ୍ଥିତି ଭଲ ରହିବ ନାହିଁ। ପାରିବାରିକ କ୍ଷେତ୍ରରେ ବ୍ୟତିକ୍ରମ ସୃଷ୍ଟି ଆଶଙ୍କା ରହିଛି। ପ୍ରିୟବନ୍ଧୁଙ୍କ ଆଗମନର ସୂଚନା ପାଇବା ସାଙ୍ଗକୁ ନୂତନ ସ୍ଥାନକୁ ବୁଲିଯିବାର ସୁଯୋଗ ମିଳିପାରେ। ପୂର୍ବ ଶତ୍ରୁତାକୁ କେନ୍ଦ୍ରକରି ଆଶଙ୍କା କରୁଥିବା ଘଟଣା ସେମିତି କିଛି ହେବ ନାହିଁ।

**ବୃଷ**: ଗୁରୁ ଦ୍ୱିତୀୟସ୍ଥ ଯୋଗୁ ପ୍ରାପ୍ୟ ଅର୍ଥ କୌଣସି ବିଶିଷ୍ଟ ବ୍ୟକ୍ତିଙ୍କ ସହାୟତାରେ ପ୍ରାପ୍ତ ହେବାର ସୂଚନା ରହିଛି। ସପ୍ତମସ୍ଥାନ ଗ୍ରହଶୂନ୍ୟ କାରଣରୁ ପ୍ରତିଦ୍ୱନ୍ଦ୍ୱିତାରେ ବିଜୟଲାଭ କରିବେ। ବନ୍ଧୁଙ୍କ ନିମନ୍ତ୍ରଣ ରକ୍ଷାକରି ଯାତ୍ରା କରିବାକୁ ବାଧ୍ୟ ହୋଇପାରନ୍ତି। ଅବଶ୍ୟ ପିଲାଙ୍କ କୌଣସି ସମସ୍ୟାକୁ କେନ୍ଦ୍ରକରି ମାନସିକ ସ୍ଥିତି ଭଲ ରହି ନ ପାରେ।

**ମିଥୁନ**: ରାଶ୍ୟାଧିପ ବୃହସ୍ପତି କ୍ଷେତ୍ରର ପ୍ରଭାବରେ କର୍ମକ୍ଷେତ୍ରରେ ସଫଳତା ଲାଭ କରିପାରିବେ। ପାରିବାରିକ ସହଯୋଗ ଅଭାବରୁ ପ୍ରତିବନ୍ଧକ ଲାଗି ରହିଥିଲେ ମଧ୍ୟ କୌଣସି କାମ ଅଟକିବ ନାହିଁ। ଧାର, କରଜ କରି ଆବଶ୍ୟକତା ପୂରଣ କରିବାରେ ସମର୍ଥ ହେବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବା ସହ ରୋଗପୀଡା ନିୟନ୍ତ୍ରଣ ମଧ୍ୟରେ ରହିବ।

**କର୍କଟ**: ବଳହୀନ ମଙ୍ଗଳ ରାଶିରେ ଥିବାରୁ ସନ୍ତାନଙ୍କ କାର୍ଯ୍ୟକଳାପରେ ଅସନ୍ତୁଷ୍ଟ ରହିପାରନ୍ତି। କର୍ମକ୍ଷେତ୍ରରେ ସମସ୍ୟା ଲାଗିରହୁଥିବାରୁ ନିରାଶ ହେବାକୁ ପଡିପାରେ। ଅବଶ୍ୟ ସ୍ୱାସ୍ଥ୍ୟ ସମସ୍ୟା ନିୟନ୍ତ୍ରଣ ମଧ୍ୟରେ ରହିଥିବାରୁ ସାମୟିକ ଆଶ୍ୱସ୍ତି ଲାଭ କରିବେ। ନିଜ ଲୋକମାନଙ୍କ ଅନାଦର ଓ ଖାପଛଡା ମନୋଭାବରୁ ସାମୟିକ ଦୁଃଖୀ ହୋଇପାରନ୍ତି।

**ସିଂହ**: ଉଚ୍ଚାରୋହୀ ରାଶ୍ୟାଧିପ ରବି ଏକାଧିକ ଗ୍ରହଙ୍କ ମଧ୍ୟରେ ଦୁଃସ୍ଥାନସ୍ଥ ଯୋଗୁ କୌଣସି କାର୍ଯ୍ୟ ସୁବିଧାରେ ହୋଇ ନ ପାରେ। ବିଭିନ୍ନ ଦିଗରୁ ସହଯୋଗ ଲାଭକରି ଉପକୃତ ହୋଇପାରନ୍ତି। ଚନ୍ଦ୍ରଙ୍କ ଅଶୁଭତ୍ୱ କାରଣରୁ ସାମୟିକ ମନରେ ଅଶାନ୍ତି ସୃଷ୍ଟି ହେଲେ ମଧ୍ୟ ନିଜକୁ ନିୟନ୍ତ୍ରଣ ମଧ୍ୟରେ ରଖିବା ପାଇଁ ସମର୍ଥ ହେବେ।

**କନ୍ୟା**: ଧନାଧିପ ନିଜଭାବରୁ ଷଷ୍ଠସ୍ଥ ହେତୁ ଅର୍ଥ ପ୍ରାପ୍ତିରେ କୌଣସି ବ୍ୟକ୍ତି ପ୍ରତିରୋଧ କରିବେ। ନିଜ ପରିବାରର ବ୍ୟକ୍ତିଙ୍କ ଅସହଯୋଗ ମନୋଭାବରୁ ବ୍ୟଥିତ ହେବେ। ପରୋକ୍ଷ ଶତ୍ରୁତା କାରଣରୁ କର୍ମକ୍ଷେତ୍ରରେ ସୁଯୋଗ ପାଇଲେ ମଧ୍ୟ ସଦ୍‌ବ୍ୟବହାର କରିବା କଷ୍ଟକର ହେବ। ସାହିତ୍ୟ,କଳା ଓ ରଚନାତ୍ମକ କାମରେ ଉଚ୍ଚ ପ୍ରଶଂସା ପାଇବେ।

**ତୁଳା**: ଭାଗ୍ୟାଧିପ ଗ୍ରହଯୁଦ୍ଧରେ ଆକ୍ରାନ୍ତ ଯୋଗୁ ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଲାଗି ରହିବ। କିଛି ଅସୁବିଧା ନ ଥିଲେ ମଧ୍ୟ କର୍ମକ୍ଷେତ୍ରରେ ଟେନ୍ସନ ଲାଗିରହିବ। ଶୁଣାକଥାକୁ ବିଶ୍ୱାସ କଲେ ଅସୁବିଧାର ସମ୍ମୁଖୀନ ହେବେ। କଳା, ସାହିତ୍ୟ, ସଙ୍ଗୀତ, ରାଜନୀତି, ସାମ୍ବାଦିକତା, ଆଇନ ଓ ଅଦାଲତ କ୍ଷେତ୍ରରୁ ଶୁଭଫଳ ପାଇବେ।

**ବିଛା**: ସପ୍ତମସ୍ଥ ବୃହସ୍ପତି ପାରିବାରିକ ଜୀବନରେ ସମସ୍ୟାଜନିତ ଅଶାନ୍ତି ସୃଷ୍ଟି କରିବ। ସାଧାରଣ କଥାକୁ ନେଇ ଭୁଲ୍ ବୁଝାମଣା ହେତୁ ଦୀର୍ଘ ଦିନର ସମ୍ପର୍କରେ ଭଙ୍ଗା ପଡିବ। ଅନୁରାଧା ସକାଶେ ସମୟାନ୍ତରେ ମତାନ୍ତର ବଦଳିପାରେ। ରାଜନୀତି, ଅଧ୍ୟାପନା, ସାହିତ୍ୟ, ସାମ୍ବାଦିକତା, କ୍ରୀଡା ଓ ସଙ୍ଗୀତରେ ସୁନାମ ଅର୍ଜନ କରିବେ।

**ଧନୁ**: ଚତୁର୍ଥଭାବରେ ଏକାଧିକ ଗ୍ରହ ପରିବାର ଓ କର୍ମକ୍ଷେତ୍ର ସକାଶେ ସମସ୍ୟା ସୃଷ୍ଟି କରିବେ। ଅବଶ୍ୟ ଆପଣ ପ୍ରତ୍ୟେକ କ୍ଷେତ୍ରରେ ଭାଙ୍ଗିଯିବେ ପଛକେ ନଇଁବେ ନାହିଁ। ମନ ଭଲ ନ ରହିଲେ ସୁଦ୍ଧା ବନ୍ଧୁଙ୍କ ଅନୁରୋଧ ରକ୍ଷା କରି ତାଙ୍କ ସାଙ୍ଗରେ ଯିବାକୁ ବାଧ୍ୟ ହେବେ। ଗଠନମୂଳକ ପ୍ରସ୍ତାବ ଦେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହୋଇପାରନ୍ତି।

**ମକର**: ନୀଚାରୋହୀ ରାଶ୍ୟାଧିପ ହେତୁ ଦୈହିକ ଓ ମାନସିକ ସ୍ଥିତି ଭଲ ରହି ନ ପାରେ। ମନ ଚାହୁଁଥିବା ଅନୁସାରେ କୌଣସି ଜିନିଷ ପାଇବା ଦୁଷ୍କର ହୋଇ ପଡିବ। ବହୁ କଷ୍ଟରେ ସାଇତି ରଖିଥିବା ଟଙ୍କା ଭିନ୍ନ ବାଟରେ ଖର୍ଚ୍ଚ ହୋଇଯିବାର ସୂଚନା ରହିଛି। ଅବଶ୍ୟ ଆନୁଷ୍ଠାନିକ କାମ, ସଭାସମିତି, ସଂଗଠନ, ରାଜନୈତିକ ସ୍ଥିତି ପ୍ରାୟତଃ ଭଲ ରହିବ।

**କୁମ୍ଭ**: କର୍ମାଧିପତି ଭାଗ୍ୟସ୍ଥାନକୁ ଦେଖୁଥିବାରୁ କୌଣସି କାମ ଅଟକି ରହିବ ନାହିଁ। କିନ୍ତୁ ଶତଭିଷା ନକ୍ଷତ୍ର ପାଇଁ ସମସ୍ତ ପ୍ରକାରର ସୁବିଧା ଥାଇ ମଧ୍ୟ କାମଟିକୁ ପୂରା କରିବା କଷ୍ଟକର ହୋଇପାରେ। ଯାହାକୁ ନିଜର ବୋଲି ମନେ କରିବେ ସେ ହିଁ ଧୋକା ଦେବାର ବହୁ ସମ୍ଭାବନା ରହିଛି। ବ୍ୟବସାୟ, ଯାତ୍ରା ଓ କର୍ମାରମ୍ଭ କ୍ଷେତ୍ରରେ ପ୍ରତିକୂଳତା ଦୂରେଇଯିବ।

**ମୀନ**: ଧନାଧିପତିଙ୍କ ଦୁର୍ବଳତାଜନିତ ଆର୍ଥିକ ଦୁରବସ୍ଥା କାରଣରୁ ମାନସିକ ସ୍ଥିତି ଭଲ ରହିବ ନାହିଁ। ଆନୁଷ୍ଠାନିକ କ୍ଷେତ୍ରରେ ବାଦବିବାଦ କ୍ରମେ ଜଟିଳ ହେବ ଓ ସଫଳତା ହାସଲ କରିବେ। ବ୍ୟବସାୟ ଓ ବାଣିଜ୍ୟ କ୍ଷେତ୍ରରେ ଉଚ୍ଚ ଫଳପ୍ରାପ୍ତି ହୋଇପାରେ। କୌଶଳ ପ୍ରୟୋଗ କରି ଭାଙ୍ଗି ପଡିଥିବା ସମ୍ପର୍କ ପୁଣି ଯୋଡିବାରେ ସମର୍ଥ ହେବେ ।

ଆଜି ଏପ୍ରିଲ ୧୧ ତାରିଖ, ନିରାପଦ ମାତୃତ୍ୱ ଦିବସ, ଚୈତ୍ର ଶୁକ୍ଳପକ୍ଷର ବିଷ୍ଣୁ ଓ ଶିବ ଦମନକ ଚତୁର୍ଦ୍ଦଶୀ ଶୁକ୍ରବାର, ଶ୍ରୀମନ୍ଦିରରେ ଦମନକାର୍ପଣ ଉତ୍ସବ ବା ଦୟଣା ଲାଗି, ଶ୍ରୀଲିଙ୍ଗରାଜ ଦେବଙ୍କ ଦମନକ ଯାତ୍ରା, ଶିବ ଚତୁର୍ଦ୍ଦଶୀ ଓ ବେଢ଼ା ପରିକ୍ରମା, ରାଶି ନକ୍ଷତ୍ର-ଉତ୍ତରା ଫାଲଗୁନୀ/କନ୍ୟା, ଚତୁର୍ଦ୍ଦଶୀର ଏକୋଦ୍ଦିଷ୍ଟ ଓ ପାର୍ବଣ ଶ୍ରାଦ୍ଧ, ଦିବା ଘ.୦୫।୩୫ ଗତେ, ଘ.୦୬।୨୫ ମଧ୍ୟେ, ଘ.୦୭।୧୪ ଗତେ, ଘ.୦୮।୪୧ ମଧ୍ୟେ ଶୁଦ୍ଧ ଶୁଭବେଳା, ଦିବା ଘ. ୧୦।୧୪ ଗତେ, ଘ.୧୧।୪୭ ମଧ୍ୟେ ରାହୁ କାଳ ।

# ସବୁଜ ବିଶ୍ୱ ପାଇଁ ସାଇକେଲରେ ୧୯୫ ଦେଶ ବୁଲିବେ ପ୍ରସନ୍ନଜିତ



ପରିବେଶର ସୁରକ୍ଷା ବାର୍ତ୍ତା ନେଇ ପଶ୍ଚିମବଙ୍ଗ ମୁର୍ଶିଦାବାଦରୁ ସାଇକେଲ ଯୋଗେ ବିଶ୍ୱଭ୍ରମଣରେ ବାହାରିଥିବା ପ୍ରସନ୍ନଜିତ୍ ଦାସ ଓରଫ ଜୋଜୋ ଦାଦା ଗୁରୁବାର 'ଧରିତ୍ରୀ' ମୁଖ୍ୟ କାର୍ଯ୍ୟାଳୟରେ ସମ୍ପାଦକ ତଥାଗତ ସତପଥୀ, ମୁଖ୍ୟ କାର୍ଯ୍ୟନିର୍ବାହୀ ଆଦ୍ୟାଶା ସତପଥୀ ଏବଂ ଅନ୍ୟମାନଙ୍କ ସହ ଏକ ବିଶେଷ ମୁହୂର୍ତ୍ତରେ। **(ଫଟୋ: ବିକାଶ ନାୟକ)**

**ଭୁବନେଶ୍ୱର, ୧୦।୪ (ବନ୍ଦନା ସେଠୀ)**

## ଓଡ଼ିଶାରେ ପହଞ୍ଚି ସଚେତନ ବାର୍ତ୍ତା ଦେଲେ

ପଶ୍ଚିମବଙ୍ଗରୁ ସାଇକେଲ୍‌ରେ ବିଶ୍ୱ ଭ୍ରମଣରେ ବାହାରିଛନ୍ତି ପ୍ରସନ୍ନଜିତ୍ ଦାସ ଓରଫ ଜୋଜୋ ଦାଦା। ସବୁଜ ପରିବେଶ ଓ ଉତ୍ତମ ସ୍ୱାସ୍ଥ୍ୟ ପାଇଁ ସାଇକେଲ ଚାଳନାକୁ ପ୍ରୋତ୍ସାହିତ କରିବା ଏହି ଯାତ୍ରାର ଲକ୍ଷ୍ୟ ରହିଥିବାବେଳେ ଏଥିପାଇଁ ଚାରା ରୋପଣ ଓ ରକ୍ତଦାନ ଲାଗି ସଚେତନତା ସୃଷ୍ଟି କରୁଛନ୍ତି ପ୍ରସନ୍ନଜିତ୍। ଇତିମଧ୍ୟରେ ସେ ୨୦ ରାଜ୍ୟ ଓ ୬ କେନ୍ଦ୍ର ଶାସିତ ଅଞ୍ଚଳ ବୁଲି ସାରିଲେଣି। ଓଡ଼ିଶାରେ ପହଞ୍ଚିବା ପରେ ଗୁରୁବାର ପ୍ରସନ୍ନଜିତ୍ 'ଧରିତ୍ରୀ' ଏବଂ 'ଓଡ଼ିଶାପୋଷ୍ଟ'ର କାର୍ଯ୍ୟାଳୟକୁ ଆସି ନିଜ ଅନୁଭୂତି ଏବଂ ଲକ୍ଷ୍ୟ ସମ୍ପର୍କରେ କହିଥିଲେ। ଏହି ଅବସରରେ ପ୍ରସନ୍ନଜିତ୍‌ଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ପଶ୍ଚିମବଙ୍ଗ ମୁର୍ଶିଦାବାଦର ଲାଲ୍‌ଗୋଲା ଅଞ୍ଚଳର ମା' ନିଳିମା ଦାସ ଏବଂ ବାପା ବିଶ୍ୱଜିତ୍ ଦାସଙ୍କ ପୁଅ ହେଉଛନ୍ତି ପ୍ରସନ୍ନଜିତ୍। ପିଲାବେଳୁ ତାଙ୍କର ସାଇକେଲ୍ ଚାଳନା ପ୍ରତି ଅହେତୁକ ରୁଚି ଥିଲା। ତେବେ ଉଚ୍ଚ ମାଧ୍ୟମିକ ଶିକ୍ଷା ପରେ ଦିନେ ୨.୫ ଘଣ୍ଟା ମଧ୍ୟରେ ସେ ୪୦ କି.ମି. ବାଟ ସାଇକେଲ୍‌ରେ ଅତିକ୍ରମ କରିଥିଲେ। ଏହା ତାଙ୍କୁ ସାଇକେଲ୍ ଚାଳନା ପ୍ରତି ଅଧିକ ଆଗ୍ରହ ପ୍ରଦାନ କରିଥିଲା। ୨୬ବର୍ଷୀୟ ଏହି ଯୁବ ସାଇକେଲ୍ ଚାଳକ ୨୦୨୧ ଅଗଷ୍ଟ ୨୫ରେ ଲାଲ୍‌ଗୋଲାଠାରୁ ସାଇକେଲ୍ ଯାତ୍ରା ଆରମ୍ଭ କରିଥିଲେ। ମାତ୍ର ୨୨୮ଦିନ ମଧ୍ୟରେ ସେ ପଶ୍ଚିମବଙ୍ଗ, ଝାଡ଼ଖଣ୍ଡ, ହିମାଚଳପ୍ରଦେଶ, ବିହାର, ଉତ୍ତରପ୍ରଦେଶ, ଲଦାଖ, କଶ୍ମୀର, ପଞ୍ଜାବ, ଦିଲ୍ଲୀ, ରାଜସ୍ଥାନ, ଗୁଜରାଟ, ମହାରାଷ୍ଟ୍ର, ଗୋଆ, କର୍ଣ୍ଣାଟକ, ଆନ୍ଧ୍ରପ୍ରଦେଶ, କେରଳ, ତାମିଲନାଡୁ, ତେଲେଙ୍ଗାନା, ମଧ୍ୟପ୍ରଦେଶ ଏବଂ ଓଡ଼ିଶା ସମେତ ୨୦ଟି ରାଜ୍ୟ ଓ ୬ଟି କେନ୍ଦ୍ର ଶାସିତ ଅଞ୍ଚଳ ସାଇକେଲ୍‌ରେ ଅତିକ୍ରମ କରିସାରିଛନ୍ତି। ବିଭିନ୍ନ ଏନ୍‌ଜିଓ ସଙ୍ଗଠନ ସହାୟତାରେ ଏହି ଯାତ୍ରା ସଫଳତାର ସହ ଚାଲିଛି ଓ ଆସନ୍ତା ୧୭ବର୍ଷ ମଧ୍ୟରେ ସାଇକେଲ୍‌ରେ ୧୯୫ଟି ଦେଶ ବୁଲିବାର ଯୋଜନା ରହିଥିବା ସେ କହିଛନ୍ତି। ପ୍ରସନ୍ନଜିତ୍‌ଙ୍କ ଏହି ସାଇକେଲ୍ ଅଭିଯାନକୁ ସାଧାରଣରେ ପ୍ରଶଂସା କରାଯାଇଛି।

# ୭ ବିଭାଗଠାରୁ ଲୋଡ଼ିଲେ ସଂଶୋଧିତ ଆକାଂକ୍ଷୀ ରିପୋର୍ଟ

**ଭୁବନେଶ୍ୱର, ୧୦।୪ (ରବିନାରାୟଣ ଜେନା)**

## ରାଜ୍ୟ ଷଷ୍ଠ ଅର୍ଥ ଆୟୋଗଙ୍କ ବିଭାଗୀୟ ସମୀକ୍ଷା

### ଆଜି ମତ୍ସ୍ୟ ଓ ପଶୁସମ୍ପଦ ବିଭାଗର ସମୀକ୍ଷା

ରାଜ୍ୟର ବିକାଶକୁ ଦୃଷ୍ଟିରେ ରଖି ଆସନ୍ତା ୨୦୨୬ରୁ ୨୦୩୧ ଆର୍ଥିକବର୍ଷ ପାଇଁ ବିଭିନ୍ନ ବିଭାଗ ପକ୍ଷରୁ କେନ୍ଦ୍ର ଅର୍ଥ ଆୟୋଗଙ୍କଠାରୁ କେତେ ଅର୍ଥ ଏବଂ କେଉଁ ବାବଦରେ ଆଶା କରାଯାଉଛି ସେନେଇ ରାଜ୍ୟ ଷଷ୍ଠ ଅର୍ଥ ଆୟୋଗଙ୍କ ପକ୍ଷରୁ ସମୀକ୍ଷା ବୈଠକ ଆରମ୍ଭ ହୋଇଛି। ରାଜ୍ୟ ଷଷ୍ଠ ଅର୍ଥ ଆୟୋଗ ଅଧ୍ୟକ୍ଷ ତଥା ଅବସରପ୍ରାପ୍ତ ଆଇଏଏସ୍ ଅଫିସର ଡ. ଅରୁଣ ପଣ୍ଡାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସମୀକ୍ଷା ବୈଠକରେ ରାଜ୍ୟରେ ମୁଖ୍ୟତଃ ପଞ୍ଚାୟତିରାଜ ବ୍ୟବସ୍ଥା ଓ ସହରାଞ୍ଚଳକୁ ସୁଦୃଢ଼ୀକରଣ କରାଯିବା ସହିତ କୃଷି, ସୂଚନା ପ୍ରଯୁକ୍ତି ଭଳି ବିଭାଗକୁ ଅଧିକ ସଶକ୍ତ କରାଯିବାକୁ ଲକ୍ଷ୍ୟ ରଖାଯାଇଛି। ଏହି କ୍ରମରେ ସରକାରଙ୍କ କୃଷି, ପଞ୍ଚାୟତିରାଜ ଓ ପାନୀୟ ଜଳଯୋଗାଣ, ନଗର ଉନ୍ନୟନ, ଜଙ୍ଗଲ ଓ ପରିବେଶ, ଇଲେକ୍‌ଟ୍ରୋନିକ୍ସ ଓ ସୂଚନା ପ୍ରଯୁକ୍ତି, ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇସାରିଛି। ଆସନ୍ତା ଶୁକ୍ରବାର ମତ୍ସ୍ୟ ଓ ପଶୁସମ୍ପଦ ବିଭାଗର ସମୀକ୍ଷା ବୈଠକ ଅନୁଷ୍ଠିତ ହେବାକୁ ରହିଛି। ଏସଂକ୍ରାନ୍ତରେ ଡ. ଅରୁଣ କହିଛନ୍ତି, ରାଜ୍ୟର ବିକାଶକୁ ଦୃଷ୍ଟିରେ ରଖି କେଉଁ ବିଭାଗ କେତେ ଟଙ୍କାର ପ୍ରସ୍ତାବ କେନ୍ଦ୍ର ଅର୍ଥ ଆୟୋଗଙ୍କୁ ଦେବାକୁ ଆଶା ରଖିଛନ୍ତି ତାହାର ଚିହ୍ନିକିଖି ସମୀକ୍ଷା କରାଯାଉଛି। ସ୍ଥଳ ବିଶେଷରେ ପ୍ରସ୍ତାବଗୁଡ଼ିକୁ ସଂଶୋଧନ କରି ମାସକ ମଧ୍ୟରେ ଦେବାକୁ ବିଭାଗଗୁଡ଼ିକୁ କୁହାଯାଇଛି। ଆସନ୍ତା ମାସକ ମଧ୍ୟରେ ବିଭାଗଗୁଡ଼ିକର ସଂଶୋଧନ ପ୍ରସ୍ତାବ ଆସିବା ପରେ କେନ୍ଦ୍ର ଅର୍ଥ ଆୟୋଗଙ୍କ ନିକଟକୁ ମଞ୍ଜୁର ପାଇଁ ସୁପାରିସ କରାଯିବ ବୋଲି ସେ କହିଛନ୍ତି।

ସୂଚନାଯୋଗ୍ୟ, କେନ୍ଦ୍ର ଷୋଡ଼ଶ ଅର୍ଥ ଆୟୋଗ ଅଧ୍ୟକ୍ଷ ଅରବିନ୍ଦ ପାନଗାରିୟାଙ୍କ ନେତୃତ୍ୱରେ ଏକ ପ୍ରତିନିଧି ଦଳ ଫେବୃଆରୀ ୪ରେ ଓଡ଼ିଶା ଗସ୍ତରେ ଆସିଥିଲେ। ଏହି ଅବସରରେ ରାଜ୍ୟ ସରକାରଙ୍କ ପକ୍ଷରୁ ଆସନ୍ତା ୫ବର୍ଷ ପାଇଁ କେନ୍ଦ୍ର ଅର୍ଥ ଆୟୋଗଙ୍କଠାରୁ ପ୍ରାୟ ୧୨.୫୬ଲକ୍ଷ କୋଟି ଟଙ୍କା ପାଇବା ପାଇଁ ଓଡ଼ିଶା ଆଶା ବାନ୍ଧିଛି। ସେଥିମଧ୍ୟରେ ରାଜସ୍ୱ ନିଅଣ୍ଟ ଭରଣା ପାଇଁ ୯ଲକ୍ଷ ୮୮ହଜାର ୪୨୨ କୋଟି ଟଙ୍କା ରହିଥିବାବେଳେ ରାଜ୍ୟର ନିର୍ଦ୍ଦିଷ୍ଟ ଆବଶ୍ୟକତା ପୂରଣ ପାଇଁ ୧ଲକ୍ଷ ୧୦ହଜାର ୪୩୪ କୋଟି ଟଙ୍କା, ଗ୍ରାମାଞ୍ଚଳ ଓ ସହରାଞ୍ଚଳର ଲୋକାଲ ବଡିମାନଙ୍କ ପାଇଁ ଅନୁଦାନ ବାବଦରେ ୧ଲକ୍ଷ ୩୬ କୋଟି ଟଙ୍କା, ରାଜ୍ୟ ବିପର୍ଯ୍ୟୟ ପରିଚାଳନା ପାଣ୍ଠି ପାଇଁ ୩୧,୦୦୪ କୋଟି ଟଙ୍କା ଏବଂ ରାଜ୍ୟ ବିପର୍ଯ୍ୟୟ ପ୍ରଶମନ ପାଣ୍ଠି ପାଇଁ ୨୯ହଜାର ୨୫୨ କୋଟି ଟଙ୍କା ଦାବି ରଖାଯାଇଛି।

ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟର ସୂଚନା ଅନୁଯାୟୀ, ରାଜ୍ୟ ସରକାରଙ୍କ ପକ୍ଷରୁ କେନ୍ଦ୍ର ଅର୍ଥ ଆୟୋଗଙ୍କ ନିକଟରେ କେନ୍ଦ୍ର ସରକାରଙ୍କ ଟିକସ ଆୟର ୪୧%ରୁ ୫୦%କୁ ବୃଦ୍ଧି କରିବା ପାଇଁ ଦାବି କରାଯାଇଛି। ଏହାସହିତ କେନ୍ଦ୍ର ସରକାରଙ୍କ ଟିକସ ଆୟର ଯେଉଁ ଅଂଶ ରାଜ୍ୟଗୁଡ଼ିକୁ ବଣ୍ଟନ କରାଯାଏ, ତାହା ରାଜ୍ୟମାନଙ୍କ ମଧ୍ୟରେ ଏକ ନିର୍ଦ୍ଧାରିତ ସୂତ୍ର ଆଧାରରେ ବଣ୍ଟାଯାଏ, ଯେଉଁଥିରୁ ଓଡ଼ିଶା ୪.୫୨୮% ଭାଗ ପାଇଥାଏ। ଓଡ଼ିଶାର ଭାଗକୁ ୪.୯୬୪ %କୁ ବୃଦ୍ଧି କରିବା ସହିତ କେନ୍ଦ୍ର ଦ୍ୱାରା ଆକଳନ କରାଯାଇଥିବା ମୋଟ୍ ରାଜସ୍ୱ ପ୍ରାପ୍ତିର ୨ ପ୍ରତିଶତ ଗ୍ରାମୀଣ ଏବଂ ସହରାଞ୍ଚଳ ସ୍ଥାନୀୟ ନିକାୟ ସଂସ୍ଥା ପାଇଁ ଅନୁଦାନ ଦେବା ପାଇଁ ପ୍ରସ୍ତାବ ଦିଆଯାଇଛି। ଏହାଦ୍ୱାରା ଓଡ଼ିଶା ଗ୍ରାମୀଣ ଓ ସହରୀ ସ୍ଥାନୀୟ ନିକାୟ ସଂସ୍ଥାମାନେ କେନ୍ଦ୍ର ସରକାରଠାରୁ ଅଧିକ ଆର୍ଥିକ ଅନୁଦାନ ପାଇପାରିବେ । ରାଜ୍ୟ ବିପର୍ଯ୍ୟୟ ପରିଚାଳନା ପାଣ୍ଠି ପାଇଁ ଦିଆଯାଉଥିବା ବାର୍ଷିକ ଅନୁଦାନର ୭୫ପ୍ରତିଶତ କେନ୍ଦ୍ର ସରକାର ବହନ କରେ ଏବଂ ଅବଶିଷ୍ଟ ୨୫ପ୍ରତିଶତ ରାଜ୍ୟ ସରକାର ବହନ କରିଥାଏ। ଏହାକୁ କେନ୍ଦ୍ର ସରକାର ୧୦୦ପ୍ରତିଶତ ବହନ କରିବାକୁ ରାଜ୍ୟ ସରକାରଙ୍କ ପକ୍ଷରୁ ଦାବି କରାଯାଇଥିଲା। ତେବେ ରାଜ୍ୟ ସରକାରଙ୍କ ବିଭିନ୍ନ ବିଭାଗର ସମୀକ୍ଷା ପରେ ପ୍ରସ୍ତାବରେ କେତେ ସଂଶୋଧିତ ହେଉଛି ଏବଂ କେତେ ଅଧିକ ଅନୁଦାନ ଓଡ଼ିଶାକୁ ମିଳୁଛି ତାହା ଦେଖିବାର ରହିଛି।

# ଜାପାନ ଯିବେ ୩ ମେଧାବୀ ଛାତ୍ରୀଛାତ୍ର

**ଢେଙ୍କିକୋଟ, ୧୦।୪ (ନୀଳମଣି ମଣ୍ଡଳ)**

କେନ୍ଦୁଝର ଜିଲା ଢେଙ୍କିକୋଟ୍‌ରେ ଥିବା ଶିକ୍ଷାନୁଷ୍ଠାନ ଶ୍ରୀଗୁରୁକୁଳ ଇଂଲିଶ ମିଡିୟମ ସ୍କୁଲର ୩ ମେଧାବୀ ଛାତ୍ରୀଛାତ୍ର ଜାପାନ ଯିବେ। ସେମାନେ ହେଉଛନ୍ତି ୧୦ମ ଶ୍ରେଣୀର ଛାତ୍ରୀ ଅନୁଷ୍କା ମହାପାତ୍ର, ସାଇଶ୍ରୀ ଶୁଭସ୍ମିତା ସାହୁ ଓ ସମ୍ବିତ ମୁଣ୍ଡା। ଛାତ୍ରୀଛାତ୍ରମାନେ ଜାପାନର ଶିକ୍ଷା, ସଂସ୍କୃତି, ଆଧୁନିକ ପ୍ରଯୁକ୍ତି ବିଦ୍ୟା ଆଦି ସମ୍ପର୍କରେ ଜ୍ଞାନ ଆହରଣ କରିବେ। ଏ ନେଇ ଜାପାନ ସରକାରଙ୍କ ପକ୍ଷରୁ ନିମନ୍ତ୍ରଣ ମିଳିଛି। ଘଟଣା ପ୍ରଚାର ପରେ ଘଟଗାଁ ବ୍ଲକ୍ ଅଞ୍ଚଳରେ ଖୁସିର ଲହରି ଖେଳିଯାଇଛି। ପ୍ରକାଶ ଯେ, ମେଟ୍ ଲର୍ନ ଇନ୍‌ସ୍ପାୟାର ପ୍ରାଇଭେଟ୍ ଲିମିଟେଡ୍ ପକ୍ଷରୁ ଆୟୋଜିତ ଇଣ୍ଡୋ-ଜାପାନ ଏକ୍ସଚେଞ୍ଜ କାର୍ଯ୍ୟକ୍ରମ ଅନୁଯାୟୀ ଗତବର୍ଷ ୨୦୦ ଛାତ୍ରୀଛାତ୍ର ପରୀକ୍ଷା ଦେଇଥିଲେ। ସେଥିମଧ୍ୟରୁ ରାଜ୍ୟର ୮ ଛାତ୍ରୀଛାତ୍ର ପରୀକ୍ଷାରେ ସଫଳତା ପାଇ ଜାପାନ ଯିବା ପାଇଁ ମନୋନୀତ ହୋଇଛନ୍ତି। ସେମାନଙ୍କ ମଧ୍ୟରେ କେନ୍ଦୁଝର ଜିଲା ବାଂଶପାଳ ବ୍ଲକ୍ କୁଡ଼ିପସା ପଞ୍ଚାୟତର ଆଦିବାସୀ ଛାତ୍ର ସମ୍ବିତ ମୁଣ୍ଡା, ଏବଂ ଅନୁଷ୍କା ମହାପାତ୍ର, ସାଇଶ୍ରୀ ଶୁଭସ୍ମିତା ସାହୁ ସ୍ଥାନ ପାଇଛନ୍ତି। ଏପ୍ରିଲ ୧୯ ତାରିଖରେ ସେମାନେ ଜାପାନ ଯିବେ ବୋଲି ଆୟୋଜକଙ୍କ ପକ୍ଷରୁ ବିଦ୍ୟାଳୟକୁ ପତ୍ର ମାଧ୍ୟମରେ ଜଣାଇଦିଆଯାଇଛି। ଛାତ୍ରୀଛାତ୍ରମାନେ ସେଠାକାର ଶିକ୍ଷା, ସଂସ୍କୃତି, ବିଜ୍ଞାନ, ଜ୍ଞାନ କୌଶଳ ସାଙ୍ଗକୁ ଆଧୁନିକ ପ୍ରଯୁକ୍ତି ସମ୍ପର୍କରେ ଜ୍ଞାନ ଆହରଣ କରିବେ।







# ସରକାର କ୍ରୀଡ଼ାକୁ ପ୍ରାଧାନ୍ୟ ଦେଉଛନ୍ତି: ମୁଖ୍ୟମନ୍ତ୍ରୀ

**କେନ୍ଦୁଝର, ୧୦।୪ (ନରେଶ ଚନ୍ଦ୍ର ପଟ୍ଟନାୟକ)**


## ୩୯ତମ ସବ୍ ଜୁନିୟର ବାଳକ ହ୍ୟାଣ୍ଡବଲ ଚାମ୍ପିୟନଶିପ

ରାଜ୍ୟ ସରକାର କ୍ରୀଡ଼ାକୁ ପ୍ରାଧାନ୍ୟ ଦେଉଛନ୍ତି। ଏ ନେଇ ପ୍ରତି ବ୍ଲକ୍‌ରେ ଖେଳପଡ଼ିଆ ଓ ପଞ୍ଚାୟତରେ ମିନି ଷ୍ଟାଡିୟମ କରିବାକୁ ନିଷ୍ପତ୍ତି ନେଇଛନ୍ତି। ଏଥିସହ ଇନ୍‌ଡୋର ଷ୍ଟାଡିୟମ ମଧ୍ୟ କରାଯିବ। ହ୍ୟାଣ୍ଡବଲ ସମେତ ଅନ୍ୟାନ୍ୟ କ୍ରୀଡ଼ାର ଉନ୍ନତି ପାଇଁ ସରକାର ସମସ୍ତ ପ୍ରୟାସ ଓ ସହଯୋଗ କରୁଛନ୍ତି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗୁରୁବାର ଦିନିକିଆ କେନ୍ଦୁଝର ଗସ୍ତ ଅବସରରେ କେନ୍ଦୁଝର ହ୍ୟାଣ୍ଡବଲ ଷ୍ଟାଡିୟମରେ ଚାଲିଥିବା ୩୯ତମ ସବ୍ ଜୁନିୟର ବାଳକ ହ୍ୟାଣ୍ଡବଲ ଚାମ୍ପିୟନଶିପର ତୃତୀୟ ଦିବସରେ ଯୋଗଦେଇ ଏଭଳି ମତବ୍ୟକ୍ତ କରିଛନ୍ତି।

ମୁଖ୍ୟମନ୍ତ୍ରୀ ରିଜର୍ଭ ପୋଲିସ ଗ୍ରାଉଣ୍ଡରେ ପହଞ୍ଚିବା ପରେ ସେଠାରୁ ହ୍ୟାଣ୍ଡବଲ ଷ୍ଟାଡିୟମରେ ଚାଲିଥିବା ୩୯ତମ ସବ୍ ଜୁନିୟର ବାଳକ ହ୍ୟାଣ୍ଡବଲ ଚାମ୍ପିୟନଶିପରେ ଯୋଗଦେଇଥିଲେ। ତାଙ୍କ ସହ ତେଲକୋଇ ବିଧାୟକ ଡା. ଫକିର ମୋହନ ନାଏକ ଉପସ୍ଥିତ ଥିଲେ। ମୁଖ୍ୟମନ୍ତ୍ରୀ ଖେଳାଳିଙ୍କୁ ଶୁଭେଚ୍ଛା ଜଣାଇବା ସହ ଅଭିଭାଷଣରେ ହ୍ୟାଣ୍ଡବଲ ଖେଳ ପାଇଁ କେନ୍ଦୁଝର ପ୍ରସିଦ୍ଧ। ୧୯୮୦ରେ ପ୍ରଥମେ ଏଠାରେ ଜାତୀୟ ଜୁନିୟର ହ୍ୟାଣ୍ଡବଲ ପ୍ରତିଯୋଗିତା ହୋଇଥିଲା। ଦୀର୍ଘ ୪୫ ବର୍ଷ ପରେ ପୁଣି ଏଠାରେ ଜାତୀୟ ପ୍ରତିଯୋଗିତା ହେବାର ସୌଭାଗ୍ୟ ମିଳିଛି। ୨୪ଟି ରାଜ୍ୟର ୪୩୨ ଜଣ ଖେଳାଳି ଓ ୧୫୦ ଅଫିସିଆଲଙ୍କୁ ନେଇ ଅନୁଷ୍ଠିତ ପ୍ରତିଯୋଗିତା କେବଳ ଆମର ଯୁବ ଖେଳାଳିଙ୍କ ଅବିଶ୍ୱସନୀୟ ପ୍ରତିଭା ଏବଂ ଦୃଢ଼ ପ୍ରତିବଦ୍ଧତାକୁ ପ୍ରତିଫଳିତ କରୁନାହିଁ। ଆମ ଯୁବପିଢ଼ିଙ୍କ ମଧ୍ୟରେ କ୍ରୀଡ଼ା ଏବଂ ଶାରୀରିକ କାର୍ଯ୍ୟକଳାପକୁ ପ୍ରୋତ୍ସାହିତ କରିବା ପାଇଁ ଆମର ସାମୂହିକ ପ୍ରତିବଦ୍ଧତାକୁ ମଧ୍ୟ ପ୍ରତିଫଳିତ କରୁଛି। କ୍ରୀଡାର ବିକାଶ ପାଇଁ ୫ ବର୍ଷ ମଧ୍ୟରେ ୪ ହଜାର ୧୨୪ କୋଟି ଟଙ୍କା ଖର୍ଚ୍ଚ କରାଯିବ। ୨୦୨୫-୨୬ରେ ବ୍ଲକ୍‌ସ୍ତରୀୟ ଷ୍ଟାଡ଼ିୟମର ବିକାଶ ପାଇଁ ୮୨୫ କୋଟି ଟଙ୍କାର ବ୍ୟୟବରାଦ କରାଯାଇଛି। ହ୍ୟାଣ୍ଡବଲ ଖେଳ ଆଜି ସମସ୍ତଙ୍କୁ ଏକାଠି କରିପାରିଛି। ଖେଳର ମୂଲ୍ୟବୋଧକୁ ବୁଝି ଆଗକୁ ବଢ଼ିବାକୁ ଆହ୍ୱାନ ଦେଇଥିଲେ। କେନ୍ଦୁଝରର ହ୍ୟାଣ୍ଡବଲ ପଡ଼ିଆ ଏସିଆ ମହାଦେଶର ପ୍ରଥମ ସିନ୍ଥେଟିକ ପଡ଼ିଆ। ଆମ ସରକାର ଖେଳ ସହ ରାଜ୍ୟର ବିକାଶ ପାଇଁ ଗୁରୁତ୍ୱ ଦେଉଛନ୍ତି। ହ୍ୟାଣ୍ଡବଲର ଉନ୍ନତି ସହ ଅନ୍ତର୍ଜାତୀୟ ସ୍ତରର ଖେଳାଳି ପ୍ରସ୍ତୁତ ପାଇଁ ଯାହା ଦରକାର ସରକାର ସହଯୋଗ କରିବେ ବୋଲି କହିଥିଲେ।



ମଞ୍ଚରେ ଉପସ୍ଥିତ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ ଅନ୍ୟମାନେ।



" ମାନବୀୟ ପ୍ରଗତିର ପୂର୍ଣ୍ଣାଙ୍ଗ ପରିଣତି ପାଇଁ ମନୁଷ୍ୟ ପକ୍ଷରେ ୟୁରୋପୀୟ ସଭ୍ୟତାର ମାନସିକ, ପ୍ରାଣିକ ଓ ଶାରୀରିକ ଉତ୍କର୍ଷର ଗୁରୁତ୍ୱ ଏବଂ ଭାରତୀୟ ସଭ୍ୟତାର ଆଧ୍ୟାତ୍ମିକ ଓ ଚୈତ୍ତିକ ବିକାଶର ପ୍ରେରଣା– ଉଭୟବିଧ ପ୍ରବୃତ୍ତିର ସମ୍ୟକ ଆବଶ୍ୟକତା ରହିଅଛି। –ଶ୍ରୀଅରବିନ୍ଦ





# ଚାଇନାରେ ବିବାହ ସଙ୍କଟ

ୟି ଫୁକ୍ସିଆନ

ଗତବର୍ଷ ଚାଇନାରେ ନୂଆ ବିବାହ ସଂଖ୍ୟା ଏକ ପଞ୍ଚମାଂଶ ହ୍ରାସ ପାଇଥିଲା। ଫଳରେ ୨୦୨୪ରେ ଥିବା ଜନ୍ମସଂଖ୍ୟା ୯.୫୪ ମିଲିୟନ ତୁଳନାରେ ୨୦୨୫ରେ ୭.୩ରୁ ୭.୮ ମିଲିୟନକୁ ଖସି ଆସିବାର ସମ୍ଭାବନା ଦେଖାଯାଇଛି। ବିଶ୍ୱ ଜନସଂଖ୍ୟାରେ ଚାଇନାର ଅଂଶ ୧୭.୨ ପ୍ରତିଶତ। କିନ୍ତୁ ଏଭଳି ସ୍ଥିତି ଯୋଗୁ ନାଇଜେରିଆ ତୁଳନାରେ ଏହାର ଜନ୍ମ ହାର ୬ ପ୍ରତିଶତ କମ୍ ରହିବ ବୋଲି ଆକଳନ କରାଯାଇଛି। ତେବେ ଚାଇନାର ଫର୍ଟିଲିଟି ରେଟ୍ ବା ହାର (ପିଲାଜନ୍ମ କରିବା ବୟସ ମଧ୍ୟରେ ଜଣେ ମହିଳା ଜନ୍ମ ଦେଉଥିବା ହାରାହାରି ସନ୍ତାନ ସଂଖ୍ୟା) ୨୦୨୫ରେ ମହିଳା ପିଛା ୦.୯ ପ୍ରତିଶତ ହାସ ପାଇବ ବୋଲି ଅନୁମାନ କରାଯାଉଛି। ଏହି ଜନସାଂଖ୍ୟିକ ବାସ୍ତବତା ଅତ୍ୟନ୍ତ ଚିନ୍ତାଜନକ। ଏଥିପାଇଁ ଚଳିତ ମାସ ପ୍ରାରମ୍ଭରେ ଚାଇନିଜ ପ୍ରିମିୟର ଲି କ୍ୱିଆଙ୍ଗ ଘୋଷଣା କରିଥିଲେ, ଜନ୍ମ ହାର ବୃଦ୍ଧି କରିବା ପାଇଁ ସରକାର ନୂଆ ନୀତି ଲାଗୁ କରିବେ। କିନ୍ତୁ ବିବାହ ସଙ୍କଟ ଏହି ପଦକ୍ଷେପର ଗୁରୁତ୍ୱକୁ ସମ୍ପୂର୍ଣ୍ଣ କମାଇଦେବ। ୨୦୧୩ରେ ୧୩.୪୭ ମିଲିୟନ ଦମ୍ପତି ବିବାହ ବନ୍ଧନରେ ବାନ୍ଧିହୋଇଥିବା ବେଳେ ୨୦୨୪ରେ ହ୍ରାସ ପାଇ ଏହା ୬.୧୧ ମିଲିୟନରେ ପହଞ୍ଚିଛି। ସେହିଭଳି ଏହି ସମୟ ମଧ୍ୟରେ ସାମଗ୍ରିକ ବିବାହ ହାର (୧୦୦୦ ଲୋକରେ) ତାଇୱାନର ୫.୪ ଏବଂ ଆମେରିକାର ୬.୧(୨୦୨୩) ଥିଲାବେଳେ ଚାଇନାର ୯.୯ରୁ ୪.୩କୁ ଖସି ଆସିଥିଲା।

ବାସ୍ତବରେ କାହିଁକି ଏଭଳି ଘଟୁଛି? ଦୁର୍ଭାଗ୍ୟଜନକ ଯେ, ଏହା ଚାଇନାର ନେତୃତ୍ୱ ଯୋଗୁ ହେଉଛି। ଏହା ପଛରେ ଗୋଟିଏ ନୁହେଁ ଅନେକ କାରଣ ରହିଛି। ଉଲ୍ଲେଖନୀୟ କାରଣ ଗୁଡ଼ିକ ମଧ୍ୟରେ ରହିଛି ଚାଇନାର ଗର୍ଭଧାରଣ ଓ ସନ୍ତାନ ଜନ୍ମ କରିବା ବୟସର ମହିଳାଙ୍କ



ସଂଖ୍ୟା ଧୀରେ ଧୀରେ ହ୍ରାସ ପାଇବାରେ ଲାଗିଛି। ଏହା ବାଦ୍ ଅନ୍ୟ କାରଣଗୁଡ଼ିକ ହେଉଛି ଜୀବନଶୈଳୀରେ ପରିବର୍ତ୍ତନ, ଦୀର୍ଘଦିନର ଏକ ସନ୍ତାନ ନୀତି (ଏବେ ରଦ୍ଦ କରାଯାଇଛି), ଲଗାତର ଅତ୍ୟଧିକ ସଂଖ୍ୟାରେ ପୁରୁଷ ବାହାରକୁ ଯିବା ଏବଂ ଅଧିକ ଯୁବ ବେରୋଜଗାର ହେବା।

ଚାଇନାର ୨୦୨୦ ଜନଗଣନା ଅନୁଯାୟୀ, ୨୦–୩୦ ବର୍ଷ ବୟସ ମଧ୍ୟରେ ମହିଳାମାନେ ୬୧ ପ୍ରତିଶତ ସନ୍ତାନଙ୍କୁ ଜନ୍ମ ଦେଇଛନ୍ତି। କିନ୍ତୁ ଏହି ବୟସ ବର୍ଗର ମହିଳାଙ୍କ ସଂଖ୍ୟା ୨୦୧୨ରେ ୧୧୧ ମିଲିୟନ ଥିବାବେଳେ ଏହା ହ୍ରାସ ପାଇ ୨୦୨୪ରେ ୭୩ ମିଲିୟନ ହୋଇଛି ଏବଂ ୨୦୫୦ରେ ଏହା ୩୭ ମିଲିୟନରେ ପହଞ୍ଚିବ ବୋଲି ଆକଳନ କରାଯାଇଛି। ଏପରି କି ଜନ୍ମ ହାର ଲଗାତର ଦ୍ରୁତ ଗତିରେ କମିବ। ଅନେକ ଦଶନ୍ଧି ଧରି ଚାଇନାରେ କନ୍ୟାଭ୍ରୂଣ ଠାବ କରି ଗର୍ଭପାତ କରାଯିବା ଯୋଗୁ ବିବାହ ପାଇଁ କନ୍ୟାଙ୍କ ଅଭାବ ଦେଖାଯାଇଛି ଏବଂ ବ୍ରାଇଡ ପ୍ରାଇସ ଯଥେଷ୍ଟ ବୃଦ୍ଧି ପାଇଛି, ଅର୍ଥାତ୍ ବର ପକ୍ଷ କନ୍ୟାକୁ ଅଧିକ ଅର୍ଥ ଦେବାକୁ ପଡୁଛି। ଚାଇନାରେ ଅନେକ ମହିଳା ଅବିବାହିତ ରହିଛନ୍ତି। କାରଣ ଗୋଟିଏ କନ୍ୟା ସନ୍ତାନ ଥିବା ଅନେକ ଅଭିଭାବକ ସେମାନଙ୍କ ବିବାହ ଅପେକ୍ଷା ଶିକ୍ଷା ଓ ଆର୍ଥିକ ସ୍ୱାଧୀନତା ଉପରେ ଗୁରୁତ୍ୱ ଦେଉଛନ୍ତି। ତୁଳନାତ୍ମକ ଭାବେ ଦେଖିବାକୁ ଗଲେ ୨୦୦୦ରେ ଚାଇନାରେ ୨୫–୨୯ ବର୍ଷ ବୟସ ମଧ୍ୟରେ ଅବିବାହିତ ମହିଳାଙ୍କ ସଂଖ୍ୟା ୯ ପ୍ରତିଶତ ବୃଦ୍ଧି ଘଟିଥିଲାବେଳେ ୨୦୨୦ରେ ଏହା ୩୩ ପ୍ରତିଶତ ଏବଂ ୨୦୨୩ରେ ୪୩ ପ୍ରତିଶତ ବଢ଼ିଛି ଏବଂ ଏହି ଧାରା ଆଗକୁ ଜାରି ରହିବ ବୋଲି କୁହାଯାଉଛି।

୧୯୮୦ରେ ଚାଇନା ଲାଗୁ କରିଥିବା ଏକ ସନ୍ତାନ ନୀତି ବିବାହରେ ବାଧା ଦେବା ସହ ଛାଡ଼ପତ୍ର ବା ବିବାହ ବିଚ୍ଛେଦର ପଥ ସୁଗମ କରିଛି, ଯାହା ବିବାହ ସଙ୍କଟକୁ ଗମ୍ଭୀର କରିଦେଇଛି। ୧୯୮୦ରେ ୧୦୦୦ ଲୋକରେ ଛାଡ଼ପତ୍ର ହାର ୦.୩ ପ୍ରତିଶତ ଥିଲାବେଳେ ୨୦୧୯ରେ ଏହା ୩.୪କୁ ବୃଦ୍ଧି ପାଇଥିଲା। ବ୍ରିଟେନ ଓ ଫ୍ରାନ୍ସକୁ ଅନୁସରଣ କରି ଛାଡ଼ପତ୍ର ପାଇଁ ୩୦ ଦିନର କୁଲିଂ ଅଫ୍ ପିରିୟଡ ଲାଗି ୨୦୨୧ରେ ଚାଇନା ନୂଆ ନାଗରିକ ସଂହିତା ଲାଗୁ କରିଥିଲା ଏବଂ ଏହା ୧୦୦୦ ଜଣରେ ଛାଡ଼ପତ୍ର ହାର ଦୁଇ ପ୍ରତିଶତକୁ ହ୍ରାସ ପାଇଥିଲା। କିନ୍ତୁ ୨୦୨୩ରେ ଏହା ପୁନର୍ବାର ୨.୬ ପ୍ରତିଶତ ବୃଦ୍ଧି ଘଟିଥିଲା। ଚାଇନାର ୩୦ ବର୍ଷ ବୟସ ମଧ୍ୟରେ ଜଣେ ମହିଳାଙ୍କର ୧୦ ପ୍ରତିଶତ ଗର୍ଭପାତ ଆଶଙ୍କା ରହିଥିବାବେଳେ ୩୫ ବୟସରେ ଏହା ୨୦% , ୪୦ବର୍ଷରେ ୩୩–୪୦% ଏବଂ ୪୫ ବର୍ଷରେ ଏହା ୫୭–୮୦% । ଏଣୁ ମା'ର ବୟସ ବୃଦ୍ଧି ଅନୁଯାୟୀ ଗର୍ଭଧାରଣରେ ଜନ୍ମଗତ ବିକୃତ ସନ୍ତାନଙ୍କ ସଂଖ୍ୟା ବୃଦ୍ଧିର ସମ୍ଭାବନା ରହିଛି। ୨୦ ବର୍ଷ ବୟସରେ ୨୦୦୦ ଜଣରେ ଜଣେ ଏଭଳି ସନ୍ତାନ ଗର୍ଭରେ ରହିବାର ଆଶଙ୍କା ରହୁଥିବାବେଳେ ଏହା ବୃଦ୍ଧି ପାଇ ୩୫ ବର୍ଷରେ ୩୫୦ ହେବା ଏବଂ ୪୫ ବର୍ଷ ବୟସରେ ୩୦ ଜଣରେ ଜଣେ ଏଭଳି ସନ୍ତାନର ସମ୍ଭାବନା ରହିଛି ।

୨୦୨୧ରେ ଆମେରିକା ଓ ମେକ୍ସିକୋରେ ପ୍ରଥମ ସନ୍ତାନ ଜନ୍ମ ଦେବାର ହାରାହାରି ବୟସ ଥିଲା ୨୭ ଏବଂ ଭାରତରେ ଏହା ଥିଲା ୨୧। ତୁଳନାତ୍ମକ ଭାବେ ଚାଇନାର ପ୍ରଥମ ସନ୍ତାନ ଜନ୍ମ ଦେବାରେ ହାରାହାରି ବୟସ ୨୦୦୦ରେ ୨୫ ଥିଲା ଓ ଏହା ୨୦୨୦ରେ ୨୮କୁ ବୃଦ୍ଧି ପାଇଥିଲା ଏବଂ ଚଳିତବର୍ଷ ବଢ଼ିଥିବା ଅନୁମାନ କରାଯାଉଛି। ସବୁଠୁ ଖରାପ ହେଉଛି, ଚାଇନାରେ ସାମଗ୍ରିକ ଫର୍ଟିଲିଟି ହାର ୧୯୭୦ ଦଶନ୍ଧିରେ ୧.୨% ଥିଲା ଓ ୨୦୨୦ରେ ୧୮% ହୋଇଛି। ଅଧିକରୁ ଅଧିକ ମହିଳାଙ୍କର ବିବାହ ପରେ କିମ୍ବା ପ୍ରଥମ ସନ୍ତାନ ପରେ ଗର୍ଭଧାରଣ କ୍ଷମତା କମୁଛି।

ପାରମ୍ପରିକ ଭାବେ ଦାର୍ଶନିକ କନ୍‌ଫୁସିୟସଙ୍କ ବିଚାରଧାରାରେ ଅଧିକ ବିଶ୍ୱାସ ଥିବା ଅଞ୍ଚଳରେ ଫର୍ଟିଲିଟି ହାର ବିଶ୍ୱରେ ସବୁଠୁ କମ୍ । କାରଣ ସେମାନେ ଶିକ୍ଷା ଉପରେ ଅଧିକ ଗୁରୁତ୍ୱ ଦେଉଥିବାବେଳେ ବିବାହ ଓ ସନ୍ତାନ ଜନ୍ମକୁ କମ୍ ଗୁରୁତ୍ୱ ଦେଇଥାନ୍ତି। ଏହିସବୁ ଅଞ୍ଚଳରେ ସାମଗ୍ରିକ ଭାବେ ସବୁଠୁ ବେଶି ଅବିବାହିତ ଲୋକ ଅଛନ୍ତି। ଇତିହାସର ତଥ୍ୟରୁ ଜଣାପଡ଼େ , ମା'ମାନଙ୍କର ପ୍ରଥମ ସନ୍ତାନ ଜନ୍ମ କରିବାର ହାରାହାରି ବୟସ ୨୮ରୁ ଅଧିକ ହୋଇଥିଲେ ସେ କ୍ଷେତ୍ରରେ ଫର୍ଟିଲିଟି ହାର ୧.୫% ବୃଦ୍ଧି କରିବା ଅସମ୍ଭବ। ଅନ୍ତର୍ଜାତୀୟ ସ୍ତରରେ ଆଇନତଃ ସର୍ବନିମ୍ନ ବିବାହ ବୟସ ୧୬ ରୁ ୧୮ ବର୍ଷ ମଧ୍ୟରେ ରହିଛି। କିନ୍ତୁ ଚାଇନା ୧୯୮୦ରେ ଏହାକୁ ପୁରୁଷଙ୍କ ପାଇଁ ୨୨ ଓ ମହିଳାଙ୍କ ପାଇଁ ୨୦ ବର୍ଷକୁ ବୃଦ୍ଧି କରିଥିଲା। ସେମାନେ ଏହି ବୟସ ସହ ଏମିତି ଅଭ୍ୟସ୍ତ ହୋଇଯାଇଛନ୍ତି ଯେ, ବିବାହ ବୟସ ଏବେ ୧୮କୁ ହ୍ରାସ କଲେ ଫର୍ଟିଲିଟି ହାର ବୃଦ୍ଧିକରିବା କଷ୍ଟକର।

ବିବାହ ଓ ଗର୍ଭଧାରଣରେ ବିଳମ୍ବ ସହ ଅବିବାହିତ ଲୋକଙ୍କ ସଂଖ୍ୟାରେ ବୃଦ୍ଧି ମୁଖ୍ୟତଃ ପ୍ରଜ୍ଞାଗତ ଲାଭ ଓ ନୂଆ ଗୁଣବତ୍ତା ଉତ୍ପାଦକତା ଶକ୍ତି ଅନୁସନ୍ଧାନରେ ଗ୍ରହଣ କରାଯାଉଥିବା ସରକାରୀ ନୀତି ଯୋଗୁ ହେଉଛି। ଚାଇନା ସରକାର ଏହାର ଆର୍ଥିକ ମହତ୍ତ୍ୱାକାଂକ୍ଷା ଏବଂ ଜନସାଂଖ୍ୟିକ ବାସ୍ତବତା ମଧ୍ୟରେ ଥିବା ବିରୋଧାଭାସକୁ ଦୂର କରିପାରିବ ତ? ଏହାର ଅତୀତର ରେକର୍ଡକୁ ଦେଖିଲେ କେହି ବି ଏହା ଉପରେ ଗ୍ୟାରେଣ୍ଟି ଦେବା କଷ୍ଟକର।

**ବରିଷ୍ଠ ବୈଜ୍ଞାନିକ, ୱିସ୍କନସିନ ମାଡିସନ ବିଶ୍ୱବିଦ୍ୟାଳୟ**



# ଆୟୁଷ୍ମାନ୍ ସ୍ୱପ୍ନ ଏବେ ସାକାର

## ସାଢ଼େ ୩ କୋଟି ଓଡ଼ିଶାବାସୀଙ୍କୁ ମାଗଣା ସ୍ୱାସ୍ଥ୍ୟସେବା

ମୋହନ ଚରଣ ମାଝୀ

କଥା ଦେଇଥିଲୁ। କଥା ରଖିଲୁ। ସାରା ରାଜ୍ୟବାସୀ ଆଜି ଖୁସି। ବିଶେଷ ଭାବରେ କାମଧନ୍ଦା ଅନ୍ୱେଷଣରେ ପେଟପାଟଣା ପାଇଁ ବିଭିନ୍ନ ରାଜ୍ୟରେ ପ୍ରବାସୀ ଶ୍ରମିକ ଭାବେ କାମ କରୁଥିବା ଲକ୍ଷ ଲକ୍ଷ ଭାଇଭଉଣୀ ଓ ସେମାନଙ୍କ ପରିବାର ସଦସ୍ୟଙ୍କ ମୁହଁରେ ହସ ଓ ହୃଦୟରେ ଆନନ୍ଦ ଭରିଯାଇଛି।

ଆଜିଠାରୁ ଓଡ଼ିଶାରେ ଆୟୁଷ୍ମାନ୍ ଭାରତର ଲାଗୁ। ଆୟୁଷ୍ମାନ୍ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା। ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା। ଆୟୁଷ୍ମାନ୍ ବୟୋବନ୍ଦନା ଯୋଜନାର ସୁଫଳ ଆଜିଠାରୁ ମୋର ପ୍ରିୟ ଓଡ଼ିଆ ଭାଇଭଉଣୀମାନଙ୍କୁ ଉପଲବ୍ଧ ହେବା କାରଣରୁ ମୁଁ ବି ବିଶେଷ ଆନନ୍ଦିତ। ଭାରତର ମାନ୍ୟବର ସ୍ୱାସ୍ଥ୍ୟମନ୍ତ୍ରୀ ଶ୍ରୀଯୁକ୍ତ ଜଗତ ପ୍ରକାଶ ନଡ୍ଡାଙ୍କ କରକମଳରେ କଟକର ଐତିହାସିକ ବାଲିଯାତ୍ରା ପଡ଼ିଆରେ ଏହାର ଲୋକାର୍ପଣ ହେବ।

ରାଜ୍ୟରେ ୧.୦୩ କୋଟିରୁ ଉର୍ଦ୍ଧ୍ୱ ପରିବାରର ୩.୪୬ କୋଟି ଲୋକଙ୍କ ପାଇଁ ଏହି ଯୋଜନା ସମର୍ପିତ। ପରିବାରର ପ୍ରତ୍ୟେକ ସଦସ୍ୟଙ୍କୁ ମିଳିବ ଯୋଜନାର କାର୍ଡ। ପରିବାର ପିଛା ବାର୍ଷିକ ୫ ଲକ୍ଷ ଟଙ୍କା ଓ ମହିଳା ପାଇଁ ପରିବାର ପିଛା ବାର୍ଷିକ ଅତିରିକ୍ତ ୫ ଲକ୍ଷ ଟଙ୍କାର ଚିକିତ୍ସା ସହାୟତା ମିଳିବ।

ଆୟୁଷ୍ମାନ୍ ବୟୋବନ୍ଦନା ଯୋଜନାରେ ୭୦ ବର୍ଷ କିମ୍ବା ୭୦ ବର୍ଷରୁ ଉର୍ଦ୍ଧ୍ୱ ବରିଷ୍ଠ ନାଗରିକଙ୍କୁ ମିଳିବ ପରିବାର ପିଛା ବାର୍ଷିକ ୫ ଲକ୍ଷ ଟଙ୍କା ଏବଂ ବରିଷ୍ଠ ମହିଳାଙ୍କ ପାଇଁ ପରିବାର ପିଛା ବାର୍ଷିକ ଅତିରିକ୍ତ ୫ ଲକ୍ଷ ଟଙ୍କାର ସହାୟତା।

ଦେଶର ସବୁ ରାଜ୍ୟର ୨୯ ହଜାରରୁ ଉର୍ଦ୍ଧ୍ୱ ସରକାରୀ ଓ ପଞ୍ଜୀକୃତ ଘରୋଇ ଚିକିତ୍ସାଳୟରେ ଏହି କାର୍ଡ ଦେଖାଇଲେ ମିଳିବ ମାଗଣା ସ୍ୱାସ୍ଥ୍ୟସେବା।

ଓଡ଼ିଶାର ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଏହା ଏକ ଯୁଗାନ୍ତକାରୀ ପଦକ୍ଷେପ। ଓଡ଼ିଶାର ଜନସାଧାରଣଙ୍କୁ ଏହା ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ନେତୃତ୍ୱାଧୀନ ଡବଲ ଇଞ୍ଜିନ ସରକାରର ଉପହାର। ଏହି ଅବସରରେ ଓଡ଼ିଶାର ସମସ୍ତ ଜନସାଧାରଣଙ୍କୁ ଶୁଭେଚ୍ଛା ଜଣାଉଛି।

ପୂର୍ବରୁ ରାଜନୈତିକ ଅଭିସନ୍ଧି ରଖି ବିଜେଡି ସରକାର ଏହି ଆୟୁଷ୍ମାନ ଯୋଜନାକୁ ରାଜ୍ୟରେ ଲାଗୁ କରୁ ନ ଥିଲେ। କିନ୍ତୁ ବିଜେପି ସରକାର ଗଠନ ହେବା ପରେ ଆମେ ଆମର ସଂକଳ୍ପପତ୍ରରେ କହିଥିବା ଗୋଟି ଗୋଟି କଥାକୁ ପୂରଣ କରିବାକୁ ବଦ୍ଧପରିକର। ପ୍ରତିଶ୍ରୁତିର ସଠିକ୍ କ୍ରିୟାନ୍ୱୟନ ହିଁ ଡବଲ ଇଞ୍ଜିନ ସରକାରର ପ୍ରତିବଦ୍ଧତା।

ଜଣେ ରାଜନୈତିକ କର୍ମୀଭାବରେ ଓଡ଼ିଶାରେ ମୋଦିଙ୍କ ଆୟୁଷ୍ମାନ୍ ଭାରତ ଲାଗୁକରିବା ପାଇଁ ଅନେକ ସମୟରେ ସହକର୍ମୀମାନଙ୍କ ସହ ରାଜରାସ୍ତାକୁ ଓହ୍ଲାଇ ଆନ୍ଦୋଳନ କରିଥିଲୁ। ଗତ ବିଜେଡି ସରକାରରେ ଆୟୁଷ୍ମାନ୍ ଭାରତ ଲାଗୁ ପାଇଁ ତତ୍କାଳୀନ ମୁଖ୍ୟମନ୍ତ୍ରୀଙ୍କୁ ଅନେକ ଥର ଅନୁରୋଧ ଓ ଦାବି କରିଥିଲୁ।

ମୋର ସ୍ପଷ୍ଟ ମନେଅଛି ଆଜି ସ୍ୱାସ୍ଥ୍ୟମନ୍ତ୍ରୀ ଭାବେ ଏହି ଯୋଜନାର ଯିଏ ଉଦ୍‌ଘାଟକ ସେ ପୂର୍ବରୁ ଦେଶର ସ୍ୱାସ୍ଥ୍ୟମନ୍ତ୍ରୀ ଭାବରେ ଏବଂ ବିଜେପିର ରାଷ୍ଟ୍ରୀୟ ସଭାପତି ଭାବରେ ଏହି ଯୋଜନାକୁ ଓଡ଼ିଶାରେ ଲାଗୁକରିବା ପାଇଁ ବାରମ୍ବାର ଅନୁରୋଧ ଓ ଦାବି କରିଥିଲେ। ତାଙ୍କରି କରକମଳରେ ଆଜି ଓଡ଼ିଶାରେ ଏହି ଯୁଗାନ୍ତକାରୀ ଯୋଜନାର ଶୁଭାରମ୍ଭ ହେବା ଅବସରରେ ଆମେ ସମସ୍ତେ ଆନନ୍ଦିତ।

ନଡ୍ଡା ଜୀଙ୍କ ସହ ଖୋଦ୍ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଓ ଗୃହମନ୍ତ୍ରୀ ଅମିତ ଶାହା ବାରମ୍ବାର ଓଡ଼ିଶାରେ ଆୟୁଷ୍ମାନ୍ ଭାରତ ଲାଗୁ କରିବା ପାଇଁ ତତ୍କାଳୀନ ରାଜ୍ୟ ସରକାରଙ୍କୁ ବାରମ୍ବାର ଅନୁରୋଧ କରିଥିଲେ। ରାଜନୈତିକ କାର୍ଯ୍ୟକର୍ତ୍ତା ଭାବରେ ଆମର ପ୍ରାଥମିକତା ଗରିବ ଲୋକଙ୍କୁ ସୁବିଧା ମିଳୁ। ମୋଦିଙ୍କ ଏପରି ଜନକଲ୍ୟାଣକାରୀ ଯୋଜନା କ୍ରିୟାନ୍ୱୟନ ନ କରାଇ ଦେବା ପଛରେ ତତ୍କାଳୀନ ସରକାରର ଗୋଟିଏ ହୀନ ପ୍ରୟାସ ଥିଲା। ଗରିବ ଓଡ଼ିଆ ଲୋକଙ୍କୁ ପଛେ ଲାଭ ନ ମିଳୁ କିନ୍ତୁ ଶ୍ରେୟ ନରେନ୍ଦ୍ର ମୋଦି ନ ନିଅନ୍ତୁ। ଓଡ଼ିଆ ଲୋକ ସେମାନଙ୍କର ଅସଲ ଉଦ୍ଦେଶ୍ୟ ବୁଝିଲେ। ଲୋକଙ୍କ ଦୁଃଖ ନ ବୁଝୁଥିବା, ରାଜନୈତିକ ସ୍ୱାର୍ଥ ପାଇଁ ରାଜ୍ୟର ଗରିବଙ୍କ ସ୍ୱାର୍ଥକୁ ଜଳାଞ୍ଜଳି ଦେଉଥିବା ସରକାରକୁ ପରିବର୍ତ୍ତନ କରି ରଖିଦେଲେ।

ସଂଘୀୟ ବ୍ୟବସ୍ଥାରେ ସମାଜର ଅନ୍ତିମ ଶ୍ରେଣୀରେ ଥିବା ଲୋକମାନଙ୍କୁ ଉତ୍ତମ ସ୍ୱାସ୍ଥ୍ୟସେବା ପ୍ରଦାନ କରିବା ଉଭୟ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଦାୟିତ୍ୱ। ସମସ୍ତଙ୍କୁ ବିନା ଆର୍ଥିକ ଅସୁବିଧାରେ ଗୁଣାତ୍ମକ ସ୍ୱାସ୍ଥ୍ୟସେବା ଉପଲବ୍ଧ କରାଇବା ଦିଗରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ନେତୃତ୍ୱାଧୀନ ଭାରତ ସରକାର ୨୩ ସେପ୍ଟେମ୍ବର ୨୦୧୮ ତାରିଖରେ ଆୟୁଷ୍ମାନ୍ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା(ଏବି–ପିଏମ୍‌ଜେଏୱାଇ) ଆରମ୍ଭ କରିଥିଲେ। ଏହି ଯୋଜନାର ଲକ୍ଷ୍ୟ ଥିଲା ଗୋଟିଏ ଏବଂ ତାହା ହେଉଛି ଗରିବଙ୍କୁ ମାଗଣାରେ ସ୍ୱାସ୍ଥ୍ୟସେବା ପ୍ରଦାନ କରିବା।

ଜାତୀୟ ସ୍ୱାସ୍ଥ୍ୟ ପ୍ରାଧିକରଣ (ଏନ୍‌ଏଚ୍‌ଏ) ଦ୍ୱାରା କାର୍ଯ୍ୟକାରୀ ହେଉଥିବା ଏହି ପ୍ରମୁଖ ଯୋଜନା ଦ୍ୱାରା ୫ ଲକ୍ଷ ଟଙ୍କାରୁ ଉର୍ଦ୍ଧ୍ୱ ଚିକିତ୍ସା ଖର୍ଚ୍ଚ ସହାୟତା ପ୍ରତି ପରିବାରକୁ ଯୋଗାଇଦେବା ଥିଲା ମହତ୍ତ୍ୱାକାଂକ୍ଷୀ ଉଦ୍ଦେଶ୍ୟ।

ଆୟୁଷ୍ମାନ୍ ଭାରତ ହେଉଛି ବିଶ୍ୱର ସର୍ବବୃହତ୍ ସାର୍ବଜନୀନ ଅନୁଦାନପ୍ରାପ୍ତ ସ୍ୱାସ୍ଥ୍ୟ ବୀମା ଯୋଜନା ଯାହା ୧୨.୩୪ କୋଟି ପରିବାରର ୫୫ କୋଟି ଲୋକଙ୍କୁ ପରିବାର ପିଛା ବାର୍ଷିକ ୫ ଲକ୍ଷ ଟଙ୍କାର ସ୍ୱାସ୍ଥ୍ୟ ବୀମା ପ୍ରଦାନ କରୁଛି।

ନିକଟରେ ୨୦୨୪ ସେପ୍ଟେମ୍ବରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କେନ୍ଦ୍ର କ୍ୟାବିନେଟ୍ ବୈଠକରେ ଆୟୁଷ୍ମାନ୍ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା ଅଧୀନରେ ୭୦ ବର୍ଷରୁ ଅଧିକ ବୟସର ସମସ୍ତ ବରିଷ୍ଠ ନାଗରିକଙ୍କୁ ସ୍ୱାସ୍ଥ୍ୟ ବୀମା ପ୍ରଦାନକୁ ସ୍ୱୀକୃତି ମିଳିଛି, ଯାହା ଏକ ଐତିହାସିକ ନିଷ୍ପତ୍ତି।

ପୂର୍ବ ବିଜେଡି ସରକାର ମୋଦି ସରକାରଙ୍କ ଆୟୁଷ୍ମାନ୍ ଯୋଜନା କାର୍ଯ୍ୟକାରୀ ନ କରି ଗରିବଙ୍କୁ ପ୍ରତାରଣା କରୁଥିଲେ ଏବଂ ନିଜର ପ୍ରଚାର ପାଇଁ ଶସ୍ତା ରାଜନୀତି କରିବାକୁ ମଧ୍ୟ ପଛାଉ ନ ଥିଲେ, ଯାହା ବିଡ଼ମ୍ବନାର ବିଷୟ ଥିଲା। ନରେନ୍ଦ୍ର ମୋଦିଙ୍କ ଲୋକପ୍ରିୟତା ଭୟରେ ରାଜ୍ୟ ସରକାର ଓ ଗରିବ ପରିବାରକୁ ଆୟୁଷ୍ମାନ୍ ଭାରତ ଯୋଜନାରୁ ବଞ୍ଚିତ ରଖିଥିଲେ।

ତେବେ ଓଡ଼ିଶା ପାଇଁ ଆୟୁଷ୍ମାନ୍ ଭାରତ ଯୋଜନା ନିହାତି ଆବଶ୍ୟକ ଥିଲା। ଓଡ଼ିଶାର ଲକ୍ଷ ଲକ୍ଷ ଲୋକ ତାମିଲନାଡୁ, ଗୁଜରାଟ, ମହାରାଷ୍ଟ୍ର ଓ ଅନ୍ୟ ରାଜ୍ୟକୁ ଦାଦନ ଖଟିବାକୁ ଯାଆନ୍ତି। ଭାରତର ଏମିତି ରାଜ୍ୟ ନାହିଁ ଯେଉଁଠି ଓଡ଼ିଆ ଭାଇ ଭଉଣୀମାନେ ଶ୍ରମଦାନକରି ଓଡ଼ିଶାକୁ ସେ ରାଜ୍ୟଗୁଡ଼ିକର ବିକାଶରେ ଭାଗୀଦାରି କରିନାହାନ୍ତି। ବାହାର ରାଜ୍ୟରେ କାମ କରୁଥିବା ଏହି ଓଡ଼ିଆ ଭାଇଭଉଣୀମାନେ ସେମାନଙ୍କର କଷ୍ଟ ଅର୍ଜିତ ଅର୍ଥକୁ ନିଜ ପରିବାରକୁ ପଠାଇବା ପରିବର୍ତ୍ତେ ନିଜର ସ୍ୱାସ୍ଥ୍ୟ ସମସ୍ୟା ବେଳେ ସେ ଅର୍ଥକୁ ଡାକ୍ତରଖାନାକୁ ଦେବାକୁ ବାଧ୍ୟ ହେଉଥିଲେ। ଏବେ ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା କାର୍ଡ ଦେଖାଇ ସେଠାରେ ମାଗଣାରେ ଉଚ୍ଚମାନର ସ୍ୱାସ୍ଥ୍ୟସେବା ପାଇପାରିବେ।

ପୂର୍ବ ସରକାରଙ୍କ ନିଜସ୍ୱ ଯୋଜନା ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନାରେ କେବଳ ଓଡ଼ିଶା ଏବଂ ଓଡ଼ିଶା ବାହାରେ ଲୋକମାନେ ସୀମିତ ଡାକ୍ତରଖାନାରେ ସୁବିଧା ପାଉଥିଲେ। ଏବେ ଆୟୁଷ୍ମାନ୍ ଭାରତ ଯୋଜନା ସହ ରାଜ୍ୟ ସରକାରଙ୍କ ନିଜସ୍ୱ ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନାରେ ରାଜ୍ୟର ଲୋକ ଏବଂ ରାଜ୍ୟର ପ୍ରବାସୀ ଲୋକମାନେ ବିଶେଷ ଉପକୃତ ହେବେ।

ଏହି ଯୋଜନା ଅଧୀନରେ ହସ୍ପିଟାଲରେ ଭର୍ତ୍ତିହେବାର ୩ ଦିନ ପୂର୍ବରୁ ଏବଂ ୧୫ ଦିନ ପର୍ଯ୍ୟନ୍ତ ଉପଚାର ଓ ଔଷଧ ମାଗଣା ଉପଲବ୍ଧ ହୋଇଥାଏ।

ଡାକ୍ତରୀ ପରୀକ୍ଷା, ଚିକିତ୍ସା ଏବଂ ପରାମର୍ଶ, ସମସ୍ତ ପ୍ରକାର ସେବାଯତ୍ନ, କ୍ଲିନିକାଲ ଏବଂ ଲାବରେଟୋରି ଇନ୍‌ଭେଷ୍ଟିଗେଶନ, ରହିବା ଏବଂ ଖାଦ୍ୟ ସେବା ଓ ମେଡିସିନ ଏବଂ ଚିକିତ୍ସା ଉପଯୋଗୀ ସାମଗ୍ରୀ ସୁବିଧା ମିଳିବ।

ଓଡ଼ିଶା ସମେତ ଦେଶର ୩ଟି ରାଜ୍ୟରେ ମୋଦିଙ୍କ ଏହି ମହତ୍ତ୍ୱାକାଂକ୍ଷୀ ଯୋଜନା ଲାଗୁ ହୋଇପାରି ନ ଥିଲା। ଇତିମଧ୍ୟରେ ଲାଗୁ ହୋଇ ନ ଥିବା ଆମ ରାଜ୍ୟ ଓଡ଼ିଶାରେ ଏହି ଯୋଜନା ଆଜିଠାରୁ ଲାଗୁହେଲା। ରାଷ୍ଟ୍ରୀୟ ରାଜଧାନୀ ଦିଲ୍ଲୀରେ ଉକ୍ତ ଯୋଜନା ଲାଗୁ ପାଇଁ ସବୁ ଯୋଜନା ପ୍ରସ୍ତୁତ। ବାକି ରହିଲା ଆମର ପଡ଼ୋଶୀ ପଶ୍ଚିମବଙ୍ଗ। ମୁଁ ନିଶ୍ଚିତ ଆମ ପଡ଼ୋଶୀ ରାଜ୍ୟରେ ଖୁବ୍‌ଶୀଘ୍ର ସେ ରାଜ୍ୟର ଲୋକଙ୍କ ମୋଦିଙ୍କ ପ୍ରତି ଆଶୀର୍ବାଦ, ସାହାଯ୍ୟ ଓ ସମର୍ଥନ ସେ ରାଜ୍ୟରେ ବି ଆୟୁଷ୍ମାନ୍ ଭାରତ ଲାଗୁ ପାଇଁ ରାସ୍ତା ଖୋଲିବ।

**ମୁଖ୍ୟମନ୍ତ୍ରୀ, ଓଡ଼ିଶା**

## ୫୦ ବର୍ଷ ତଳର ଧରିତ୍ରୀ

୧୧ ଏପ୍ରିଲ ୧୯୭୬

- ରାଜ୍ୟର ବିଭିନ୍ନ ଅଞ୍ଚଳରେ କାର୍ଯ୍ୟ କରୁଥିବା ଖଣି କର୍ମଚାରୀମାନଙ୍କୁ ବାସଗୃହ ଯୋଗାଇଦେବା ପାଇଁ ଖଣି କର୍ପୋରେସନ ପକ୍ଷରୁ ସ୍ଥିର କରାଯାଇଛି।
- ବିଶିଷ୍ଟ ରବୀନ୍ଦ୍ର ସଙ୍ଗୀତ ଗାୟିକା ରାଜେଶ୍ୱରୀ ଦତ୍ତଙ୍କ ୫୫ ବର୍ଷ ବୟସରେ ପରଲୋକ।
- କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶତକଡ଼ା ୧୫ ଭାଗ ସ୍ଥାନ ତଫସିଲଭୁକ୍ତ ଜାତି ଓ ଉପଜାତି ଛାତ୍ରୀଛାତ୍ରଙ୍କ ପାଇଁ ସଂରକ୍ଷିତ କରାଯିବା ନେଇ ନିଷ୍ପତ୍ତି।

## su|do|ku ସୁ–ଡୋ–କୁ

Puzzles by Srikant Ghosh

| | | | | | | | | |
|---|---|---|---|---|---|---|---|---|
| | | 1 | | | | 9 | | |
| | | 9 | 6 | | | 2 | 7 | |
| | 7 | 5 | | | | | | |
| | | | | | | | | |
| | | | 7 | 2 | 5 | | | |
| | | | 8 | 9 | 1 | 6 | 2 | |
| | 2 | | | 3 | | | 4 | |
| 7 | | 8 | | | 4 | 1 | | |
| 1 | | | 5 | | 8 | | | |

ଏହାର ଉତ୍ତର ଆସନ୍ତାକାଲି ପ୍ରକାଶ ପାଇବ

ଉପରେ ପ୍ରଦତ୍ତ ସୁଡୋକୁର ଏପରି ସମାଧାନ କରିବାକୁ ହେବ, ଯେପରି ପ୍ରତ୍ୟେକ ଧାଡ଼ି, ସ୍ତମ୍ଭ ଓ ଆୟତାକାର ବାକ୍ସ ଭିତରେ ୧ରୁ ୯ ପର୍ଯ୍ୟନ୍ତ ଅଙ୍କ ରହିବ।

| | | | | | | | | |
|---|---|---|---|---|---|---|---|---|
| 9 | 5 | 7 | 4 | 1 | 2 | 8 | 3 | 6 |
| 6 | 8 | 3 | 5 | 9 | 7 | 4 | 2 | 1 |
| 2 | 4 | 1 | 3 | 8 | 6 | 7 | 5 | 9 |
| 7 | 6 | 4 | 9 | 3 | 5 | 1 | 8 | 2 |
| 1 | 3 | 5 | 6 | 2 | 8 | 9 | 4 | 7 |
| 8 | 2 | 9 | 1 | 7 | 4 | 3 | 6 | 5 |
| 5 | 7 | 8 | 2 | 4 | 9 | 6 | 1 | 3 |
| 3 | 9 | 6 | 8 | 5 | 1 | 2 | 7 | 4 |
| 4 | 1 | 2 | 7 | 6 | 3 | 5 | 9 | 8 |

ଗତକାଲିର ଉତ୍ତର



# ବଞ୍ଚିବାକୁ ଦିଅ

ବିପ୍ଲବ

ହାଇଦ୍ରାବାଦର କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟ ନିକଟରେ ଏକ ଆଇଟି ପାର୍କ ନିର୍ମାଣ ପାଇଁ ୪ ଶହ ଏକର ଜଙ୍ଗଲକୁ ବୁଲ୍‌ଡୋଜର ଲଗେଇ ରାତାରାତି ସଫା କରିବାର ଅମାନବୀୟ ନିଷ୍ପତ୍ତି ଆଜି ସମସ୍ତ ପରିବେଶବିତ୍ ଏବଂ ପଶୁପକ୍ଷୀପ୍ରେମୀଙ୍କୁ ଗଭୀର ଆଘାତ ଦେଇଛି। ମୁଖ୍ୟତଃ ମୟୂର ଏବଂ ହରିଣଙ୍କର ଚରାଭୂମି ଥିବା ଏହି ଜଙ୍ଗଲ ସୁରକ୍ଷା ପାଇଁ ହାଇଦ୍ରାବାଦ ବିଶ୍ୱବିଦ୍ୟାଳୟର ଛାତ୍ର ଛାତ୍ରୀମାନଙ୍କର ପ୍ରାଣମୂର୍ଚ୍ଛା ଉଦ୍ୟମ, ସାମାଜିକ ଗଣମାଧ୍ୟମରେ ଜନ ଆନ୍ଦୋଳନ ଏବଂ ଶେଷରେ ସୁପ୍ରିମକୋର୍ଟଙ୍କ ହସ୍ତକ୍ଷେପ ନିରୀହଙ୍କ ପ୍ରତି ଅତ୍ୟାଚାର ବିରୋଧରେ ମାନବତାର ବିଜୟ ବୋଲି ଧରିନେବାକୁ ହେବ।

ମଣିଷ ଆଗରେ ଏବେ ଦୁଇଟି ବଡ଼ ସମସ୍ୟା ମୁଣ୍ଡ ଟେକିଛି । ଗୋଟିଏ ହେଉଛି ତାପମାତ୍ରାର ଭୟଙ୍କର ବୃଦ୍ଧି ଏବଂ ଅନ୍ୟଟି ହେଉଛି ଭୂତଳ ଜଳର ହ୍ରାସ। ଏହା ବିଶ୍ୱର ମାନବସମାଜ ଏବଂ ଜୀବଜଗତକୁ ପ୍ରଭାବିତ କରୁଛି। ଏ ଦୁଇଟି ସମସ୍ୟାର କାରଣ ଆଉ ନିରାକରଣର ବାଟ ନ ଖୋଜିଲେ ଆମେ ଭବିଷ୍ୟତ ପିଢ଼ିଙ୍କ ପାଇଁ ମୃତ୍ୟୁର କବର ପ୍ରସ୍ତୁତ କରି ରଖୁଛେ ବୋଲି ଭାବିବାକୁ ହେବ।

ଓଡ଼ିଶା କଥା ଆଲୋଚନା ପରିସରକୁ ନିଆଯାଉ। କିଛି ବର୍ଷ ହେବ ଓଡ଼ିଶାର ପ୍ରତ୍ୟେକ ଜିଲାରେ କୋଟି କୋଟି ଟଙ୍କା ଖର୍ଚ୍ଚ ହୋଇ ମେଗା ପାନୀୟ ଜଳ ପ୍ରକଳ୍ପ କାର୍ଯ୍ୟକାରୀ ହେଉଛି। ପାନୀୟ ଜଳ ସଙ୍କଟକୁ ଦୃଷ୍ଟିରେ ରଖି ଚଳିତ ବର୍ଷ ସରକାର ୫ ହଜାରରୁ ଉର୍ଦ୍ଧ୍ୱ ନଳକୂପ ଖନନ କରିଛନ୍ତି। ଏହା ସତ୍ତ୍ୱେ କେତେକ ଜିଲାରେ କେବଳ ଗ୍ରୀଷ୍ମ ଋତୁରେ ନୁହେଁ ବର୍ଷ ସାରା ବି ପାନୀୟ ଜଳ ସଙ୍କଟ ଲାଗିରହିଛି। ଏହାର ମୁଖ୍ୟ କାରଣ ସ୍ୱଳ୍ପ ଜଳ ବୃଷ୍ଟି ଏବଂ ଭୂତଳ ଜଳର ଭୟଙ୍କର ହ୍ରାସ।

ଓଡ଼ିଶା ସରକାରଙ୍କର ପ୍ରଦୂଷଣ ବିଭାଗ



ତରଫରୁ ଜାରି ହୋଇଥିବା ଏକ ରିପୋର୍ଟରୁ ଜଣାଯାଏ କି ୨୦୨୦ରୁ ୨୦୨୪ ଭିତରେ ଗଜପତିରେ ୩. ୮୯ ମିଟର, କେନ୍ଦୁଝରରେ ୧. ୨୬ ମିଟର, ବୌଦ୍ଧ ୧. ୫୧ ମିଟର, କଟକ ୧. ୩୮ ମିଟର, ଖୋର୍ଦ୍ଧା ୧. ୪୦ ମିଟର ଏବଂ ରାୟଗଡ଼ା ଜିଲାରେ ୨. ୦୫ ମିଟର ଭୂତଳ ଜଳ ହ୍ରାସ ପାଇଛି। ସରକାର ଏ ଦିଗରେ ବିଭିନ୍ନ ଯୋଜନା ହାତକୁ ନେଇ ସଫଳ ହୋଇ ପାରି ନାହାନ୍ତି। ଏହାର ଅନେକ କାରଣ ରହିଛି। ସରକାରୀ ଭାବରେ ବୃକ୍ଷରୋପଣ ଏବଂ ଜଙ୍ଗଲ ବୃଦ୍ଧିର ମିଛ ରିପୋର୍ଟ, ଶିଳ୍ପାୟନ ଏବଂ ରାସ୍ତା ସମ୍ପ୍ରସାରଣ ପାଇଁ ବ୍ୟାପକ ବୃକ୍ଷ ଛେଦନ, ଶିଳ୍ପ ସଂସ୍ଥାଗୁଡ଼ିକରେ ଜଳର ବ୍ୟାପକ ବେଆଇନ ବ୍ୟବହାର, ଭୂପୃଷ୍ଠରେ ମାତ୍ରାଧିକ କଂକ୍ରିଟ ଜଙ୍ଗଲ ଏବଂ ଶେଷରେ ସଂଗୃହୀତ ଜଳର ବହୁଳ ବ୍ୟବହାର ଇତ୍ୟାଦି। ଅଧିକାଂଶ ନଦୀ ଏବେ ବାଲିଚର, ଶୁଷ୍କ ଆଉ ବେଗହୀନ। ଏପରିକି ମହାନଦୀ ଏବେ ଜଳହୀନ। ବୋରିଂ କରି ଯେଉଁ ସବୁ ପ୍ରକଳ୍ପ ଚାଲୁଛି ସେଗୁଡ଼ିକ ପାନୀୟ ଜଳ ପରିବର୍ତ୍ତେ କେତେକ ଅସାଧୁ ଲୋକ ତାକୁ ସଂଗ୍ରହ କରି ନିର୍ମାଣ କାର୍ଯ୍ୟରେ ବ୍ୟବହାର କରୁଛନ୍ତି ତ କେଉଁଠି ଟ୍ୟାପ ଖୋଲା ହୋଇ ଅନବରତ ପାଣି ଝରୁଛି। ସବୁଥିରେ ସରକାରଙ୍କୁ ଦୋଷ ଦେଇ ହେବନି। ଲୋକେ ସଚେତନ ହେବା ଦରକାର।

ତିରିଶ ବର୍ଷ ପଛକୁ ଫେରିଗଲେ ଦେଖିବା ପରିବେଶର ଉତ୍ତାପ ବୃଦ୍ଧି ଭୟଙ୍କର ନ ଥିଲା। ଖରାଦିନେ ଲୋକେ ବିଞ୍ଚଣାର ବ୍ୟବହାର କରୁଥିଲେ। ଏବେ ଘରେ ଘରେ ଫ୍ରିଜ, କୁଲର, ଏସି। କିନ୍ତୁ ତା'ର ପ୍ରତିକୂଳ ପ୍ରଭାବ ଶରୀର ଆଉ ପରିବେଶ ଉପରେ କ'ଣ ପଡୁଛି ତାକୁ ଆମେ ଅଣଦେଖା କରୁଛେ।ସଚେତନ ହେବା ପାଇଁ ବିଜ୍ଞାପନ ଦିଆହେଉଛି, ସଭା ସମିତିରେ ସଚେତନତାର ବାର୍ତ୍ତା ବଣ୍ଟା ଚାଲିଛି। ଲାଭ କ'ଣ ? ତମେ ଯେତେବେଳେ ଅନ୍ୟକୁ ଧ୍ୱଂସ କରିବାର କାରଣ ହେବ ନିଜେ ଧ୍ୱଂସ ହୋଇଯିବ। ଅତଏବ ହେ ପ୍ରକୃତିର ଶ୍ରେଷ୍ଠ ଜୀବ ନିଜେ ସଚେତନ ହୁଅ, ନିଜେ ବଞ୍ଚ, ଅନ୍ୟକୁ ବଞ୍ଚିବାକୁ ଦେଇ ମାନବ ଧର୍ମ ସାର୍ଥକ କର।

**ମକୁନ୍ଦ ପୁର, ବାଙ୍କୀ**

**ମୋ : ୯୪୩୭୪୬୮୦୧୬**

## ଏଇ ଭାରତରେ

ମହାରାଷ୍ଟ୍ରର ଏଭଳି ଅନେକ ଆଦିବାସୀବହୁଳ ଗାଁଗୁଡ଼ିକରେ ସୌରଶକ୍ତି ଯୋଗାଇଦେବାର ବ୍ୟବସ୍ଥା କରିଛନ୍ତି କେମିକାଲ ଇଞ୍ଜିନିୟର ତନବୀର ଇନାମଦାର। କେବଳ ଏତିକି ନୁହେଁ, ସେ ପାହାଡ଼ ଉପରେ ଥିବା ଗାଁ ନିକଟରେ ଜଳପ୍ରପାତ ଥିଲେ ସେଥିରୁ ବିଦ୍ୟୁତ ଉତ୍ପାଦନ କରି ଯୋଗାଇ ଦେଉଛନ୍ତି। ତାଙ୍କ ଉଦ୍ୟମରେ ମିଶନ ଉର୍ଜାରେ ଅନେକ ଘର ଆଲୋକିତ ହୋଇପାରିଛି। ୨୦୧୮ରେ ଟ୍ରି (ଟେକ୍‌ନୋଲୋଜି ରିୟୁଜ ଏନ୍‌ଭାଇରନ୍‌ମେଣ୍ଟ ଏମ୍ପାୱାର୍‌ମେଣ୍ଟ ଇନୋଭେଶନ) ଫାଉଣ୍ଡେଶନ ଗଠନ କରି ତା' ମାଧ୍ୟମରେ ୨୦୨୨ରୁ ଏହି ଅଭିଯାନ ଚଳାଇଛନ୍ତି। ମିଶନ ଉର୍ଜାରେ ସ୍ଥାୟୀ ଭାବେ ପ୍ୟାନେଲ ବସାଇ ସୌର ବିଦ୍ୟୁତ ଉତ୍ପାଦନ କରାଯାଉଛି। ଏହା ସହ ସାଙ୍ଗରେ ନେଇଯିବା ଭଳି ଛୋଟ ସୋଲାର ସିଷ୍ଟମ ମଧ୍ୟ ଯୋଗାଇ ଦେଉଛନ୍ତି। ଦରକାର ହେଲେ ଲୋକେ ବାହାରକୁ କାମ କରିବାକୁ ଗଲାବେଳେ ତାହାକୁ ସାଙ୍ଗରେ ନେଇପାରୁଛନ୍ତି। ଏହାର ସୁପରିଚାଳନା ପାଇଁ ସେ ଉର୍ଜା କମିଟି ଗଠନ କରିଛନ୍ତି। ବିଦ୍ୟୁତ ଉପଯୋଗ ପରିମାଣକୁ ନେଇ ପରିବାର ୧୦ରୁ ୫ହ ଟଙ୍କା ଦେଉଛନ୍ତି। ଏହାକୁ ଉର୍ଜା କମିଟିର ପାସ୍‌ବୁକ୍‌ରେ ଜମା କରାଯାଉଛି। ଏହି ଅର୍ଥରେ ସୋଲାର ସିଷ୍ଟମର ଦେଖାରଖା କରାଯାଉଛି। ଏବେସୁଦ୍ଧା ୯୪୫ ପରିବାର ଉପକୃତ ହୋଇସାରିଲେଣି। ୨୦୨୮ ସୁଦ୍ଧା ୧୦୦ରୁ ଅଧିକ ଗାଁକୁ ସୌରଶକ୍ତି ଯୋଗାଇ ଦେବାକୁ ତନବୀର ଯୋଜନା କରିଛନ୍ତି। ଏହା ସହ ପ୍ରତି ଗାଁରେ ସେ ୧୦ ଜଣ ଯୁବକଙ୍କୁ ପ୍ରଯୁକ୍ତିଭିତ୍ତିକ ପ୍ରଶିକ୍ଷଣ ମଧ୍ୟ ଦେଉଛନ୍ତି।

## ଚିରନ୍ତନୀ

ରୂପର ମୋହେ ମୁଗ୍ଧ କବି
ମୁରୁଛି ନାହିଁ ପାରେ
ଅବାକ୍ ହୋଇ ରହିଲା ଚାହିଁ
ପଥର ସେହି ଧାରେ।
–(କୁହୁ ପ୍ରାସ)
–କାଳିନ୍ଦୀ ଚରଣ ପାଣିଗ୍ରାହୀ

## ପାଠକ ଶ୍ରେଷ୍ଠ ବିଚାରକ

### ଟ୍ରମ୍ପଙ୍କ କଠୋର ଚେତାବନୀ

ମହାଶୟ,

ଡୋନାଲ୍ଡ ଟ୍ରମ୍ପ ଆମେରିକାରେ ଦ୍ୱିତୀୟ ଥର ରାଷ୍ଟ୍ରପତି ରୂପେ କ୍ଷମତାସୀନ ହେବା ପରେ କେତେକ ପ୍ରସଙ୍ଗରେ ନିଜର ମତାମତ ବ୍ୟକ୍ତ କରିଛନ୍ତି, ଯାହା ଆନ୍ତର୍ଜାତିକ ସ୍ତରରେ ଅସ୍ଥିରତା ସୃଷ୍ଟି କରିଛି। କାନାଡ଼ାକୁ ଆମେରିକା ଅନ୍ତର୍ଭୁକ୍ତ କରିବାକୁ କହିଛନ୍ତି ଓ ଗ୍ରୀନ୍‌ଲାଣ୍ଡକୁ ନିଜ ଦେଶରେ ସାମିଲ କରବାକୁ କହିଛନ୍ତି। ଆମେରିକା ଉତ୍ପାଦିତ ଦ୍ରବ୍ୟଗୁଡିକ ଉପରେ କାନାଡ଼ା, ଭାରତ, ମେକ୍ସିକୋ, ଚାଇନା ଆଦି କେତେକ ଦେଶ ଉଚ୍ଚ ହାରରେ ଯେଉଁ ଟାରିଫ୍ ଲାଗୁ କରିଛନ୍ତି, ତା'ର ମୁକାବିଲା ପାଇଁ ସେ ସବୁ ଦେଶରୁ ଆମଦାନୀ ଦ୍ରବ୍ୟରେ ସେହି ପରିମାଣରେ ଟାରିଫ୍ ବୃଦ୍ଧି ପାଇଁ ଧମକ ଦେଇଛନ୍ତି। ଇରାନ୍ ଆଣବିକ ଚୁକ୍ତିରେ ସ୍ୱାକ୍ଷର ନ କଲେ ବୋମାମାଡ଼ ହେବ ବୋଲି ଚେତାବନୀ ଦେଇଛନ୍ତି। ଲେବାନନ୍‌ରେ ଆତଙ୍କବାଦୀ ହିଜ୍‌ବୁଲା ଗୋଷ୍ଠୀ ଉପରେ ବୋମାମାଡ଼ ହେଉଛି। ତେବେ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ବିଭିନ୍ନ ସମୟରେ ନୂଆ ନୂଆ ବିବୃତି ଦେଉଥିବାରୁ ରାଜନୈତିକ ଅସ୍ଥିରତା ବୃଦ୍ଧି ପାଇବା ଲକ୍ଷ୍ୟ କରାଯାଉଛି।

**–ହରମୋହନ ମହାନ୍ତି, ଦଉତୋଟା, ପୁରୀ**

ପାଠକ ଶ୍ରେଷ୍ଠ ବିଚାରକ ସ୍ତମ୍ଭକୁ ପତ୍ର ପଠାଇବାର ଠିକଣା: ସମ୍ପାଦକ, ଧରିତ୍ରୀ, ବି–୧୫, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର–୭୫୧୦୧୦
କେବଳ ସମ୍ପାଦକଙ୍କୁ ପତ୍ର, ଖବର ପାଇଁ ବ୍ୟବହାର କରନ୍ତୁ : E-mail:dharitripress@gmail.com (Use only for letters to Editor, news & news photos) କେବଳ ବିଜ୍ଞାପନ ପାଇଁ ବ୍ୟବହାର କରନ୍ତୁ: E-mail:advt@dharitri.com :miku11@yahoo.com (Use only for advertisements,commercial queries)

# ନବୀନଙ୍କ ମୁହଁରେ ମିଛ ଶୋଭା ପାଉନି: ପ୍ରଭାତ

ଭୁବନେଶ୍ୱର,୧୦।୪(ସୁନିତ୍ ମିଶ୍ର)

ବରିଷ୍ଠ ନେତା ତଥା ପୂର୍ବତନ ବିଧାୟକ ପ୍ରଭାତ ତ୍ରିପାଠୀ ବିଜେଡିରେ ନାହାନ୍ତି ବୋଲି ଦଳ ସଭାପତି ନବୀନ ପଟ୍ଟନାୟକ କହିବା ସହ ତାଙ୍କୁ ଟାର୍ଗେଟ କରିଥିଲେ। ଏହାର ଦିନକ ପରେ ପ୍ରଭାତ ତ୍ରିପାଠୀ ସଭାପତି ନବୀନଙ୍କ ମନ୍ତବ୍ୟ ଉପରେ କାଉଣ୍ଟର ଆଟାକ୍ କରିଛନ୍ତି। ଗୁରୁବାର ଏକ ଖବରଦାତା ସମ୍ମିଳନୀରେ ପ୍ରଭାତ କହିଛନ୍ତି, ୱାକ୍‌ଫ ବିଲ୍‌କୁ ନେଇ ବିଜେଡିକୁ ଚାରିଆଡୁ ଯେଉଁ ଟାର୍ଗେଟ କରାଯାଉଛି ତାହା ଉପରୁ ନଜର ହଟାଇବାକୁ ଏଭଳି କରାଯାଉଛି। ନବୀନଙ୍କ ଭାବମୂର୍ତ୍ତିକୁ ତାଙ୍କ କାର୍ଯ୍ୟାଳୟ ଜାଣିଶୁଣି କ୍ଷୁଣ୍ଣ କରୁଛି। ବିଜେଡିର ତଥାକଥିତ ମୁଖିଆ ନିଜର ସ୍ଥିତି ଜାହିର କରିବା ପାଇଁ ନବୀନଙ୍କ ମୁହଁରେ ଯାହା କିଛି ବି କୁହାଇ ଦେଇପାରୁଛନ୍ତି। ମିଛ କହିବା ନବୀନ ପଟ୍ଟନାୟକଙ୍କ ମୁହଁରେ ଶୋଭାପାଉନାହିଁ।


ଖବରଦାତା ସମ୍ମିଳନୀରେ ପୂର୍ବତନ ବିଧାୟକ ପ୍ରଭାତ ତ୍ରିପାଠୀ।

ନବୀନ ବୁଧବାର ଏହି କଥା କହିବା ବେଳେ କେବଳ ଜାତୀୟ ଗଣମାଧ୍ୟମକୁ ଡାକି ପ୍ରତିକ୍ରିୟା ଦେଇଥିଲେ। ଓଡ଼ିଶାର କୌଣସି ଗଣମାଧ୍ୟମକୁ ଏ କଥା ନବୀନ କହି ନ ଥିଲେ। ୧୦ ମାସ ତଳେ ଓଡ଼ିଶା ଲୋକ ଜବାବ ଦେଇଛନ୍ତି, ଅଣଓଡ଼ିଆଙ୍କୁ କେବେ ଗ୍ରହଣ କରିବେ ନାହିଁ। ଗତ ନିର୍ବାଚନରେ ଲୋକଙ୍କ ମନରେ ସନ୍ଦେହ ସୃଷ୍ଟି ହେଲା। ନବୀନ ପଟ୍ଟନାୟକ ଦୁଇଟି ସ୍ଥାନରୁ ଛିଡା ହୋଇଥିଲେ। ଦୁଇଟି ସ୍ଥାନରୁ ଜିତିଥିଲେ, ପାଣ୍ଡିଆନଙ୍କୁ ଛିଡା କରାଇ ଉପମୁଖ୍ୟମନ୍ତ୍ରୀ କରାଇଥାଆନ୍ତେ। ଏହାପରେ ନବୀନ ଓଡ଼ିଶା ଛାଡି ପଳାଇଥାଆନ୍ତେ ବୋଲି ଲୋକ ଭାବିଥିଲେ। ତେଣୁ ଲୋକ ଏହାକୁ ଗ୍ରହଣ କଲେ ନାହିଁ। ପାଣ୍ଡିଆନଙ୍କୁ ଘରେ ରଖି ବ୍ୟକ୍ତିଗତ ଭାବେ ପରାମର୍ଶ ନେବାରେ କିଛି ଅସୁବିଧା ନାହିଁ। କିନ୍ତୁ ଗାଁ ଗହଳିର ଲୋକଙ୍କ ପାଖକୁ ଏକ ଖରାପ ମେସେଜ୍ ଯାଉଛି। 'କୁଚିଛେ ନା ଗୋଡ଼ ଦି' ଟା ଦିଶୁଛି ' ନ୍ୟାୟରେ ଯଦି ବିଜେଡିର ସବୁ କିଛିର ତାଙ୍କ ଦ୍ୱାରା ହେଉଥିବ ଏହା ଦଳ ପାଇଁ ଭଲ ନୁହେଁ ବୋଲି ପ୍ରଭାତ କହିଛନ୍ତି।

ପ୍ରଭାତ ଆହୁରି କହିଛନ୍ତି, ୱାକ୍‌ଫ ପ୍ରସଙ୍ଗରୁ ନଜର ହଟାଇବାକୁ ନବୀନବାବୁ ଏପରି କଥା ମୋ ନାଁରେ କହିଛନ୍ତି। ବର୍ତ୍ତମାନ ଯେଉଁମାନେ ଦଳରେ ବେଶି ପାଟି କରୁଛନ୍ତି, ସେମାନେ ମିଡନାଇଟ୍ ଅପରେସନରେ ପ୍ୟାରୀ ବାବୁଙ୍କ ସାଙ୍ଗରେ ଥିଲେ। ସେମାନେ ଦଳର ମେମ୍ବରସିପ ବିଷୟରେ କ'ଣ କହିବେ। ବିନା କାରଣରେ ଯେମିତି ଆଘାତ ପାଇଲି, ସେମାନେ ବି ଆଗକୁ ଅସୁବିଧାରେ ପଡିବେ। ଗୋଟିଏ ରାଜନୈତିକ ଦଳ କ'ଣ ଏମିତି ଚାଲିବ। ଜଣେ ଲୋକ ଜଣକୁ ଭରସା କରି ଚାଲିବ। ସେ ଲୋକ ଚାଲିଗଲେ କଣ ଦଳ ଚାଲିବନି। ଏହା ବ୍ୟକ୍ତିଗତ ପରିବାରର କଥା ନୁହେଁ, ଓଡ଼ିଶାର ଲୋକ ଏହି ଦଳ ସହ ଜଡିତ ଅଛନ୍ତି। ସେ ନିଜ ପାଇଁ ଫାଇଟ୍ କରୁନାହାନ୍ତି। ଗୋଟିଏ କାରଣ ପାଇଁ ଲଢେଇ କରୁଥିବା ସେ କହିଛନ୍ତି। ୱାକ୍‌ଫ ଭୋଟଦାନ ପ୍ରସଙ୍ଗରୁ ନଜର ହଟାଇବାକୁ ନବୀନ ବାବୁ ମୋ ବିରୋଧରେ ଏମିତି ପଦକ୍ଷେପ ନେଇଛନ୍ତି। କିନ୍ତୁ ଦଳର ଏମ୍‌ପିମାନଙ୍କୁ କେଉଁ ପରିସ୍ଥିତିରେ ବିବେକାନୁମୋଦିତ ଭୋଟ ଦେବା ପାଇଁ କୁହାଗଲା, ଏହା ପଛରେ କିଏ ତାହା ବିଜେଡିର ବରିଷ୍ଠ ନେତା ଓ ଓଡ଼ିଶା ଲୋକ ଜାଣିବାକୁ ଚାହୁଁଛନ୍ତି। ଏହାକୁ ନେଇ ବିଜେଡି ବିଧାୟକ ଗଣେଶ୍ୱର ବେହେରା କହିଛନ୍ତି, ଦଳରେ ଶୃଙ୍ଖଳା ପାଇଁ ଆଗାମୀ ଭବିଷ୍ୟତ ପାଇଁ କେତେକ ଅନୁଶାସନ ପାଳନ କରାଯିବା ଦରକାର। ସେ ବିଷୟରେ ସଭାପତି ନବୀନ ପଟ୍ଟନାୟକ କହିଛନ୍ତି। କର୍ମୀ ଏବଂ ନେତାଙ୍କ ଉଦ୍‌ବେଗକୁ କହିଛନ୍ତି। ତାଙ୍କର ଏହି କଥାକୁ ସ୍ୱାଗତ। କୌଣସି ହୋଟେଲରେ ନେତା କର୍ମୀ ବୈଠକ କରିବା ଅନୁଚିତ ବୋଲି ଗଣେଶ୍ୱର କହିଛନ୍ତି।



ଡିଜିଟାଲ ବ୍ୟକ୍ତିଗତ ତଥ୍ୟ ସୁରକ୍ଷା ଆଇନରୁ ଧାରା ୪୪(୩) ଉଚ୍ଛେଦ କରିବା ଦାବିରେ ନୂଆଦିଲ୍ଲୀସ୍ଥିତ ପ୍ରେସ୍ କ୍ଲବ୍ ଅଫ୍ ଇଣ୍ଡିଆଠାରେ ଗୁରୁବାର ଆୟୋଜିତ ଖବରଦାତା ସମ୍ମିଳନୀରେ ଇଣ୍ଡିଆ ମେଣ୍ଟର ନେତା ଗୌରବ ଗୋଗୋଇ, ପ୍ରିୟଙ୍କା ଚତୁର୍ବେଦୀ, ଜାଭେଦ ଅଲୀ ଏମ୍‌ଏମ୍ ଅବଦୁଲ୍ଲା, ଜନ୍ ବ୍ରିଟାସ ଓ ନଭଲ କିଶୋର ରାଇ । (ଫଟୋ: ଚମନ ଗୌତମ)

# ୩ବର୍ଷରେ ୫ଲକ୍ଷ ଅନ୍ତ୍ୟୋଦୟ ଗୃହ ବଣ୍ଟନ ହେବ: ମନ୍ତ୍ରୀ ଗଣ୍ଡ



ସମାବେଶରେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡଙ୍କ ସମେତ ଅନ୍ୟ ନେତୃବୃନ୍ଦ।

କେସିଙ୍ଗା,୧୦।୪ (ଡୁମେଶ୍ୱର ସାହୁ)

କଳାହାଣ୍ଡି ଜିଲା କେସିଙ୍ଗା ଏନ୍‌ଏସି କଲ୍ୟାଣ ମଣ୍ଡପଠାରେ ଗୁରୁବାର ଭାଜପାର ଏକ ଜନସମାବେଶ ଅନୁଷ୍ଠିତ ହୋଇଥିଲା। ଏଥିରେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ମୁଖ୍ୟଅତିଥି ଭାବେ ଯୋଗଦେଇଥିଲେ। ଭାରତ ମାତାଙ୍କ ଫଟୋଚିତ୍ରରେ ଦୀପ ପ୍ରଜ୍ୱଳନ ପରେ ସଭାକାର୍ଯ୍ୟ ଆରମ୍ଭ ହୋଇଥିଲା। ମୁଖ୍ୟ ଅତିଥି ମନ୍ତ୍ରୀ ଗଣ୍ଡ ଡବଲ ଇଞ୍ଜିନ ସରକାରଙ୍କ ୯ମାସର ସଫଳତା ବିଷୟରେ ସୂଚନା ଦେଇଥିଲେ। ସୁଭଦ୍ରା ଯୋଜନା, ଶ୍ରୀମନ୍ଦିର ଚାରିଦ୍ୱାର ଖୋଲିବା ଓ କର୍ପସ ଫଣ୍ଡ ବ୍ୟବସ୍ଥା କରାଯାଇଥିବା କହିଥିଲେ। ଗରିବଙ୍କୁ ୨୩ ଲକ୍ଷ ପ୍ରଧାନମନ୍ତ୍ରୀ ଆବାସ ଯୋଜନା ପ୍ରଦାନ କରାଯାଇଥିବାବେଳେ ଆଉ ୪ଲକ୍ଷ ଦେବାର କାର୍ଯ୍ୟକ୍ରମ ରହିଛି ବୋଲି ମନ୍ତ୍ରୀ ପ୍ରକାଶ କରିଥିଲେ। ଆସନ୍ତା ୩ବର୍ଷ ମଧ୍ୟରେ ୫ଲକ୍ଷ ଅନ୍ତ୍ୟୋଦୟ ଯୋଜନା ଗୃହ ଯୋଗାଇଦେବା ପାଇଁ ମନ୍ତ୍ରୀ ଘୋଷଣା କରିଥିଲେ। ବୃଦ୍ଧାବୃଦ୍ଧ ଓ ବିକଳାଙ୍ଗଙ୍କୁ ୩୫୦୦ ଟଙ୍କା ଯୋଗାଇ ଦିଆଯାଇଥିବାବେଳେ ନବମ ଓ ଦଶମ ଶ୍ରେଣୀ ପିଲାଙ୍କ ପାଇଁ ମଧ୍ୟାହ୍ନ ଭୋଜନ ବ୍ୟବସ୍ଥା ସହ ମାଣ୍ଡିଆ ଲଡୁ ବଣ୍ଟନ ଆଦି ବିଷୟରେ କହିଥିଲେ। ଶିକ୍ଷାର ବିକାଶ ପାଇଁ ରାଜ୍ୟରେ ଜାତୀୟ ଶିକ୍ଷାନୀତି ଲାଗୁ କରାଯାଇଥିବା ପ୍ରକାଶ କରିଥିଲେ। ପ୍ରାଥମିକ ଶିକ୍ଷାକୁ ସୁଦୃଢ଼ କରିବା ପାଇଁ ଖଡ଼ି ଛୁଆଁ, ଶିଶୁ ବାଟିକା ଆରମ୍ଭ କରାଯାଇଛି। ୪୬୨ ସ୍କୁଲରେ ପିଏମ୍‌ଶ୍ରୀ ଯୋଜନା ଲାଗୁ କରାଯିବା ସହ ଶହୀଦ ଲକ୍ଷ୍ମଣାନନ୍ଦ ନାଏକଙ୍କ ନାମରେ ଆଦର୍ଶ ସ୍କୁଲ ଖୋଲାଯିବ ବୋଲି ମନ୍ତ୍ରୀ ପ୍ରକାଶ କରିଥିଲେ। ଏହି ସମାବେଶରେ ରାଜ୍ୟ ସଭା ସଦସ୍ୟ ସୁଜିତ କୁମାର, ପୂର୍ବତନ ବିଧାୟକ ଅନାମ ନାଏକ, ବ୍ଲକ ଅଧ୍ୟକ୍ଷ ଚନ୍ଦନ କୁମାର ସେନାପତି ପ୍ରମୁଖ ଯୋଗଦେଇ ବକ୍ତବ୍ୟ ରଖିଥିଲେ। ଏହି ଅବସରରେ ବିଜେଡି, କଂଗ୍ରେସର ପ୍ରାୟ ୫୦ଜଣ କର୍ମୀ ଭାଜପାରେ ଯୋଗଦେଇଥିଲେ। ଜିଲା ସଭାପତି ଯୁଗଳ କିଶୋର ପୋଢ଼ ପ୍ରାରମ୍ଭିକ ସୂଚନା ଦେଇଥିବାବେଳେ ଜିଲା ସାଧାରଣ ସମ୍ପାଦକ ଜୟ ଶଙ୍କର ନାଏକ ମଞ୍ଚ ପରିଚାଳନା କରିଥିଲେ। ପ୍ରାରମ୍ଭରେ ମନ୍ତ୍ରୀଙ୍କୁ ପୁଷ୍ପଗୁଚ୍ଛ ଦେଇ କର୍ମୀମାନେ ସଭାସ୍ଥଳକୁ ପାଛୋଟି ନେଇଥିଲେ।

# ଝାରସୁଗୁଡ଼ା ଜିଲା ବିଜେଡି ୨ ଭାଗ

ଝାରସୁଗୁଡ଼ା,୧୦।୪
(ଆଶିଷ ରଞ୍ଜନ ଦାଶ)

ବର୍ତ୍ତମାନ ୱକ୍‌ଫ ବିଲ୍‌କୁ ନେଇ ରାଜ୍ୟ ବିଜେଡି ଭାଗ ଭାଗ ହୋଇ ପରସ୍ପରକୁ ଦୋଷାରୋପ କରୁଥିବା ବେଳେ ଝାରସୁଗୁଡ଼ାରେ ମଧ୍ୟ ସମାନ ଦୃଶ୍ୟ ଦେଖିବାକୁ ମିଳିଛି। ଝାରସୁଗୁଡ଼ା ଜିଲା ବ୍ରଜରାଜନଗର ପୌର ପରିଷଦ ଅଧ୍ୟକ୍ଷାଙ୍କ ଅନାସ୍ଥା ଭୋଟ ପରେ ଜିଲା ବିଜେଡି ପ୍ରାୟତଃ ଦୁଇ ଭାଗ। ଜିଲା ବିଜେଡିରେ ପୂର୍ବତନ ବିଧାୟିକା ଅଳକା ମହାନ୍ତି ଓ ଦୀପାଳି ଦାସଙ୍କ ମଧ୍ୟରେ ଟକରାଟକରି ଚାଲିଛି। ବ୍ରଜରାଜନଗର ପୌର ପରିଷଦ ଅଧ୍ୟକ୍ଷା ଯାଜ୍ଞସେନୀ ଓରାମ ଥିଲେ ପୂର୍ବତନ ବିଧାୟିକା ଅଳକାଙ୍କ ସମର୍ଥକ। କିନ୍ତୁ ଝାରସୁଗୁଡ଼ାର ପୂର୍ବତନ ବିଧାୟିକା ଦୀପାଳି ଓ ଭାଜପାର ଜଣେ ଆଗ ଧାଡ଼ିର ନେତାଙ୍କ ପ୍ରଚେଷ୍ଟାରେ ଏଇ କିଛି ଦିନ ହେବ ଅନାସ୍ଥା ଅଣାଯାଇ ଯାଜ୍ଞସେନୀଙ୍କୁ ହଟାଇ ଦିଆଯାଇଥିବା ଅଳକାଙ୍କ ଅନୁଗତମାନେ କହୁଛନ୍ତି, ଯାହା କି ଜିଲା ବିଜେଡିରେ ଫାଟ ସୃଷ୍ଟି ହେବା ମୁଖ୍ୟ କାରଣ। ଯଦି ଝାରସୁଗୁଡ଼ାର ୧୫ରୁ ୨୦ ବର୍ଷ ରାଜନୀତି ଇତିହାସକୁ ଦେଖିବା, ତେବେ ସ୍ୱର୍ଗତ

## ସଭାପତି ପଦ, ସଙ୍ଗଠନକୁ ନେଇ ସବୁଠି ଚର୍ଚ୍ଚା


ଅଳକା ମହାନ୍ତି


ଦୀପାଳି ଦାସ

କିଶୋର ମହାନ୍ତିଙ୍କ ଲୋକପ୍ରିୟତା ଥିଲା। ପରେ କଂଗ୍ରେସରୁ ଆସି ନବ ଦାସ ବିଜେଡିରେ ଯୋଗ ଦେଇଥିଲେ। ଫଳରେ ଉଭୟେ ଜିଲାରେ ବିଜେଡିକୁ ମଜଭୁତ କରିଥିଲେ। ତେବେ କିଶୋରଙ୍କ ଦେହାନ୍ତ ପରେ ତାଙ୍କ ସ୍ତ୍ରୀ ଅଳକା କମ୍ ଦିନ ପାଇଁ ବ୍ରଜରାଜନଗର ବିଧାୟକ ହେବା ସହିତ ଗତ ନିର୍ବାଚନରେ ଭାଜପାର ସୁରେଶ ପୂଜାରୀଙ୍କଠାରୁ ହାରିଯାଇଥିଲେ। କିନ୍ତୁ ଏବେ ଅଳକାଙ୍କ ସହ ତାଙ୍କ ପୁଅ ଦୁର୍ଗେଶ ମହାନ୍ତି ପିତାଙ୍କ ଅନୁଗତଙ୍କ ସହ ମିଶି ଲୋକଙ୍କ ପାଇଁ କାମ କରୁଛନ୍ତି।

ବିଶ୍ୱସ୍ତ ସୂତ୍ରର ଖବର ଅନୁସାରେ ଜିଲା ସଭାପତି ପଦ ପାଇଁ ଅଳକା ମହାନ୍ତି ଅନ୍ୟତମ ନେତା ତାପସ ରାୟ ଚୌଧୁରୀଙ୍କ ନାମ ସୁପାରିସ କରିଥିବା ଜଣାପଡିଛି। ଚୌଧୁରୀ ଝାରସୁଗୁଡା ପୌର ପରିଷଦର ପୂର୍ବତନ ଅଧ୍ୟକ୍ଷ ଥିଲେ। ଏବେ ସେ ଜିଲା ଆଥ୍‌ଲେଟିକ ଆସୋସିଏଶନ ସହିତ ବିଭିନ୍ନ ରାଜନୈତିକ, ସାମାଜିକ ତଥା ସାଂସ୍କୃତିକ ସଙ୍ଗଠନ ସହିତ ଜଡ଼ିତ ଅଛନ୍ତି। ସେ ଯଦି ଜିଲା ସଭାପତି ହୁଅନ୍ତି, ତେବେ ଉଭୟ ଗୋଷ୍ଠୀର ଲୋକଙ୍କୁ ଏକଜୁଟ କରି ଜିଲାରେ ବିଜେଡି ସଙ୍ଗଠନକୁ ମଜଭୁତ କରିପାରିବେ ବୋଲି ଚର୍ଚ୍ଚା ହୁଏ।

ସେହିପରି ଦୀପାଳି ମଧ୍ୟ ଝାରସୁଗୁଡ଼ାରେ ତାଙ୍କ ପିତା ନବଙ୍କ ଦେହାନ୍ତ ପରେ ଝାରସୁଗୁଡାର ବିଧାୟକ ହୋଇଥିଲେ। ୨୦୨୪ ନିର୍ବାଚନରେ ଭାଜପାର ଟଙ୍କଧର ତ୍ରିପାଠୀଙ୍କଠାରୁ ଅଳ୍ପ ଭୋଟରେ ହାରିଯାଇଥିଲେ। ନବଙ୍କ ଏକାନ୍ତ ଅନୁଗତ ଥିବା ଅନେକ ଲୋକ ଏବେ ଦଳ ଛାଡି ଭାଜପାକୁ ଚାଲିଯାଉଥିବା ବେଳେ କିର୍ମିରା ପଞ୍ଚାୟତ ସମିତି ଅଧ୍ୟକ୍ଷା ଅନାସ୍ଥା ପ୍ରସ୍ତାବରେ ନିଜର ସଂଖ୍ୟାଗରିଷ୍ଠତା ଥାଇ ମଧ୍ୟ ଦୀପାଳି ନିଜ ଲକ୍ଷ୍ୟ ହାସଲ କରିପାରିଲେ ନାହିଁ। ଅର୍ଥାତ୍ ଏକଦା ନବଙ୍କ ଗଡ଼ ଥିବା କିର୍ମିରାରେ ଭାଜପା ସମର୍ଥିତ ସମିତି ଅଧ୍ୟକ୍ଷା ନିଜ ପଦବୀ ବଜାୟ ରଖିଲେ। ଏହାସତ୍ତ୍ୱେ ଭାଇ ବିଶାଳଙ୍କ ସହାୟତାରେ ଦୀପାଳି ନିଜ ସଙ୍ଗଠନକୁ ମଜଭୁତ କରିବାକୁ ଚେଷ୍ଟା କରୁଛନ୍ତି। ସେ ଜିଲା ସଭାପତି ପଦ ପାଇଁ ବର୍ତ୍ତମାନ ଥିବା ଜିଲା ସଭାପତି ରବି ସିଂ ଓ ହରିଶ ଗଣତ୍ରାଙ୍କ ନାମ ସୁପାରିସେ କରିଥିବା ବିଶ୍ୱସ୍ତ ସୂତ୍ରରୁ ଜଣାପଡିଛି। କୁହାଯାଉଛି ରବି ସିଂ ବୟସାଧିକ୍ୟ କାରଣରୁ ଭାଜପା କବ୍‌ଜାରେ ଥିବା ଝାରସୁଗୁଡା ଜିଲାରେ ଧାଁଧପଡ଼ କରି ସଙ୍ଗଠନକୁ ମଜଭୁତ କରିବା ସମ୍ଭବ ନୁହେଁ। ତେବେ ଜିଲା ସଭାପତି ପଦ ପାଇଁ ଜିଲା ଓକିଲ ସଂଘ ସଭାପତି ତ୍ରିନାଥ ଗୁଆଲଙ୍କ ନାମକୁ ନେଇ ମଧ୍ୟ ଜିଲାରେ ଚର୍ଚ୍ଚା ହେଉଛି। ଏଭଳି ସ୍ଥଳେ ଝାରସୁଗୁଡ଼ାବାସୀ କାହା ନେତୃତ୍ୱ ପ୍ରତି ଆସ୍ଥା ରଖୁଛନ୍ତି ଓ ବିଜେଡି ମୁଖ୍ୟ କାହାର କେଉଁ ଅଭିଜ୍ଞତାକୁ ଆଖି ଆଗରେ ରଖି ଜିଲା ସଭାପତି ପଦ ଦେଉଛନ୍ତି, ତାହା ଦେଖିବାକୁ ବାକି ରହିଲା।

# ନବୀନଙ୍କ ମୁଠା ହୁଗୁଳା: ତାରା

ଭୁବନେଶ୍ୱର,୧୦।୪
(ରବିନାରାୟଣ ଜେନା)

ବିଜେଡିରେ ସଂପ୍ରତି ୱକ୍‌ଫ ବିଲ୍‌କୁ ନେଇ ଯେଉଁ ରାଜନୈତିକ ଆରୋପ ପ୍ରତ୍ୟାରୋପ ଦେଖାଦେଇଛି, ସେଥିରୁ ଦଳର ନେତା ଓ କର୍ମୀଙ୍କ ଅସନ୍ତୋଷ ସ୍ପଷ୍ଟ ବାରି ହୋଇ ପଡୁଛି ବୋଲି କଂଗ୍ରେସର ବରିଷ୍ଠ ବିଧାୟକ ତାରା ପ୍ରସାଦ ବାହିନୀପତି କହିଛନ୍ତି। ତେଣୁ ବିଜେଡି ଆଉ ନବୀନବାବୁଙ୍କ ନିୟନ୍ତ୍ରଣରେ ନାହିଁ ଓ ତାଙ୍କ ହାତମୁଠା ଦିନକୁ ଦିନ କୋହଳ ହେଉଛି ବୋଲି ତାରା କହିଛନ୍ତି।

ଗୁରୁବାର ପୂର୍ବତନ ବିଜେଡି ବିଧାୟକ ପ୍ରଭାତ ତ୍ରିପାଠୀ ଖବରଦାତା ସମ୍ମିଳନୀରେ ଦେଇଥିବା ମନ୍ତବ୍ୟକୁ ନେଇ ତାରା କହିଛନ୍ତି, ବିଜେଡିରେ ଆଉ ଶୃଙ୍ଖଳା ନାହିଁ। ନବୀନବାବୁ କେତେବେଳେ କ'ଣ କହୁଛନ୍ତି ତାହା ରାଜ୍ୟବାସୀ କି ତାଙ୍କ ଦଳର ନେତା ଓ କର୍ମୀ ବୁଝିପାରୁନାହାନ୍ତି। ଯଦିଓ ବିଜେଡିର ଏହା ଆଭ୍ୟନ୍ତରୀଣ ବ୍ୟାପାର, ରାଜ୍ୟବାସୀଙ୍କ ସହିତ ନବୀନ ଯେଉଁ ଛଳନା କରୁଛନ୍ତି ତାହାକୁ ନେଇ ଦଳୀୟ ନେତୃବୃନ୍ଦ ଜଣକ ପରେ ଜଣେ ଗଣମାଧ୍ୟମ ସମ୍ମୁଖକୁ ଆସି ଦେଉଥିବା ମନ୍ତବ୍ୟ ଦୁର୍ଭାଗ୍ୟଜନକ। ଦୀର୍ଘଦିନ ଧରି ଦଳରେ ଥିବା ଅସନ୍ତୋଷ ଏବେ ପଦାକୁ ଫୁଟି ବାହାରୁଛି। ସ୍ଥିତି ଏପରି ହେଲାଣି ଯେ ଆଗାମୀ ଦିନରେ ଦଳର ଅସ୍ତିତ୍ୱ ହଜିଯିବ ବୋଲି ତାରା କହିଛନ୍ତି।

# ଖଣି ମାଫିଆମାନେ ଅବୈଧ ଖନନ କରୁଛନ୍ତି

ଭୁବନେଶ୍ୱର, ୧୦।୪(ସୁନିତ୍ ମିଶ୍ର)

ବର୍ତ୍ତମାନ ସମୟରେ ଓଡ଼ିଶାର ସୁନ୍ଦରଗଡ ଜିଲା ହେମଗିର ବ୍ଲକ ଓ କୋଇଡା ଅଞ୍ଚଳରେ ବ୍ୟାପକ ଭାବେ ଅବୈଧ କୋଇଲା, ଆଇରନ ଏବଂ ମାଙ୍ଗାନିଜ ଖନନ ଚାଲିଛି। ଉପରୋକ୍ତ ଜଙ୍ଗଲ ଅଞ୍ଚଳରେ ଏହି କାର୍ଯ୍ୟକଳାପ ହେଉଥିବାରୁ ପରବିବେଶ, ଜନଜୀବନ ଏବଂ ସ୍ଥାନୀୟ ବାସିନ୍ଦାଙ୍କ ପ୍ରତି ମହାବିପଦ ସୃଷ୍ଟି ହୋଇଛି। ଖଣି ମାଫିଆମାନେ ଭାରି ଯନ୍ତ୍ରପାତି ସହିତ ଅବୈଧ ଖନନ କରୁଛନ୍ତି। ରାଜ୍ୟର ବିଭିନ୍ନ ଅଞ୍ଚଳ ସହ ପଡ଼ୋଶୀ ରାଜ୍ୟକୁ ମଧ୍ୟ ଚୋରା ଚାଲଣ ହେଉଛି। ବହୁ ସ୍ଥାନରେ ଜିଲା ପ୍ରଶାସନ, ଜଙ୍ଗଲ ବିଭାଗ, ଜିଲା ଖଣି ଅଧିକାରୀ ଦାୟିତ୍ୱରେ ଥିବା ବିଭାଗର ଅନ୍ୟ କର୍ମଚାରୀଙ୍କ ଅଭିଜ୍ଞତାର ଅଭାବ କିମ୍ବା ସହଯୋଗ ହୀନତା ଦେଖିବାକୁ ମିଳୁଛି ବୋଲି ରାଜ୍ୟ ବିଧାନସଭାର ଉପବାଚସ୍ପତି

## ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖିଲେ ଉପବାଚସ୍ପତି


SHRI BHABANI SHANKAR BHOI
DEPUTY SPEAKER
ODISHA LEGISLATIVE ASSEMBLY

ଭବାନୀ ଶଙ୍କର ଭୋଇ କହିଛନ୍ତି।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ଗତ ୮ ତାରିଖରେ ଉପବାଚସ୍ପତି ଏନେଇ ଏକ ଚିଠି ଲେଖି ସେଥିରେ ଉଲ୍ଲେଖ କରିଛନ୍ତି, ବଣାଇ ଉପଖଣ୍ଡର ମୂଷାପୋଷ ପଥର ଖଣି ମଧ୍ୟ ଲୁଟ ହେଉଛି। ଏହିସବୁ ଘଟଣା ଜିଲା ପ୍ରଶାସନର ଦୁର୍ବଳତା ଦର୍ଶାଉଛି। ଅବୈଧ ଖଣି ଖନନ ବିରୋଧରେ ତୁରନ୍ତ ଉଚ୍ଚସ୍ତରୀୟ ତଦନ୍ତ ଆରମ୍ଭ କରାଯାଉ। ଅଭିଯୁକ୍ତ ମାଫିଆ ଓ ସହଯୋଗ କରୁଥିବା କର୍ମଚାରୀଙ୍କ ବିରୋଧରେ ଆଇନ ଅନୁଯାୟୀ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ। ଅବୈଧ ଖଣି ଖନନ ରୋକିବାକୁ ଏକ ବିଶେଷ ଟାସ୍କଫୋର୍ସ ଗଠନ କରାଯାଉ। ଜଙ୍ଗଲ ଓ ପରିବେଶ ସୁରକ୍ଷା ପାଇଁ ସ୍ଥାନୀୟ ସଭ୍ୟତା ଓ ଗ୍ରାମବାସୀଙ୍କ ସହଯୋଗ ଜନସଚେତନତା ଅଭିଯାନ ଆରମ୍ଭ ହେଉ। ରାଜ୍ୟର ସମସ୍ତ ବର୍ଡର ଅଞ୍ଚଳରେ ଜୋର୍‌ଦାର ଚେକିଂ କରାଯାଉ। ଏହା ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ହେବ ବୋଲି ଆଶା କରୁଥିବା ଉପବାଚସ୍ପତି ତାଙ୍କ ଚିଠିରେ ମୁଖ୍ୟମନ୍ତ୍ରୀଙ୍କୁ କହିଛନ୍ତି।


**GOVERNMENT OF ODISHA**
**(PANCHAYATI RAJ & DRINKING WATER DEPARTMENT)**
**OFFICE OF THE PANCHAYAT SAMITI, NANDAPUR, KORAPUT**
E-mail : ori-nandapur@nic.in

No.1489/2025 Dated : 05.04.2025

**NOTICE INVITING TENDER**
**Bid Identification No. - NDP01 of 2025-26 of B.D.O. Nandapur**

The Block Development Officer, Nandapur, Dist.-Koraput, PIN-764037 (Odisha) invites **Percentage Rate Bids in Single Cover System** on behalf of Governor of Odisha in electronic tendering system **(www.tendersodisha.gov.in)** for the construction of **8 (Eight)** Nos. of works detailed in the table from the eligible civil contractors. The amount put to tender and bid security may be changed and confirmed at the time of available of tender documents. The bidders may participate for any bids or all the following works.

| Sl. No. | Name of the Work | Amount put to Tender (Approx. in Rupees) | Class of Contractor | Cost of Tender Paper | E.M.D. (Bid Security) in Rs. | Period of Completion (Calendar Month) |
|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 |
| 1 | Construction of Additional class room at Netaji High School, Thuba | 13,51,165/- | "C" & "D" | 6,000/- | 13,550/- | 06 Months |
| 2 | Construction of Additional class room at Govt. UGHS, Attanda | 14,60,442/- | "C" & "D" | 6,000/- | 14,610/- | 06 Months |
| 3 | Construction of Additional class room at Khurji PS | 14,47,366/- | "C" & "D" | 6,000/- | 14,500/- | 06 Months |
| 4 | Construction of Additional class room at Mangrel PS | 14,50,769/- | "C" & "D" | 6,000/- | 14,510/- | 06 Months |
| 5 | Construction of Additional class room at Badel PS | 14,45,853/- | "C" & "D" | 6,000/- | 14,500/- | 06 Months |
| 6 | Construction of Additional class room at Kukudaput PS | 14,48,172/- | "C" & "D" | 6,000/- | 14,500/- | 06 Months |
| 7 | Construction of Additional class room at Talakondapalli PS | 14,48,639/- | "C" & "D" | 6,000/- | 14,500/- | 06 Months |
| 8 | Construction of BT Road from PWD Road to Chatwa | 25,28,210/- | "B" & "C" | 6,000/- | 26,000/- | 04 Months |

| | |
|---|---|
| Tender documents are available on website | Can be downloaded from Website (http://www.tendersodisha.gov.in) |
| Bid documents available date and time | **15.04.2025 to 28.04.2025** up to 17.30 Hours |
| Bid clarification start date & closing date | **15.04.2025 to 28.04.2025** during office hours |
| Date, time and venue of opening of bid online | **(02.05.2025 at 11.30 Hours)**, Office of the Block Development Officer, Panchayat Samiti, Nandapur |
| If stipulation arises the tender will be decided through Lottery System | **(02.05.2025)** Office of the Block Development Officer, Panchayat Samiti, Nandapur |

**Sd./- Block Development Officer**
**Nandapur**



**TPWODL**
**TP WESTERN ODISHA DISTRIBUTION LIMITED**
(A Joint Venture of Tata Power and Government of Odisha)
Corporate Office : Burla, Dist.-Sambalpur (Odisha)-768017

**NOTICE INVITING TENDER**

TP Western Odisha Distribution Limited, invites tender quotations (in 2part bidding) from eligible vendors for the following packages :

1. **TPWODL/MK/O/SITC/ 2500000915: RC for SITC of 16mtr & 20mtr High mast at TPWODL.**
2. **TPWODL/PJ/O/SU/2500000917: Supply of 315KVA, 11/0.433KV BIS Lev-II Distribution Transformer.**

Interested bidders to submit Tender Participation Fee and Authorization Letter through email on or before **22nd April 2025, 18:00Hrs,** respectively, after which link from e-Tender system shall be shared.

For detailed tender documents of the above-mentioned tender, please visit Tender section on website **www.tp-westernodisha.com.** Further details for participating in tender is given in the tender document.

Prospective bidders are requested to visit the website for detailed amendment and updated tender document.

Sd/- **Head- Contracts & Procurement**



**ପୂର୍ବ ତଟ ରେଳପଥ**

ଟେଣ୍ଡର ବିଜ୍ଞପ୍ତି ସଂ.05/ET/SBP/ENGG/2025-26, ତା.04.04.2025ରିଖ

(1)ଇ-ଟେଣ୍ଡର ସଂ.01-eT-DENE-SBP-25

**କାର୍ଯ୍ୟର ନାମ :** ସମ୍ବଲପୁର ମଣ୍ଡଳର ସହାୟକ ମଣ୍ଡଳ ଯନ୍ତ୍ରୀ/ରେଢ଼ାଖୋଲ ପରିସୀମା ଅଧୀନସ୍ଥ ଚାରମାଳ ଷ୍ଟେସନ ଠାରେ 40 BOBYNs କୁ ସ୍ଥାନ ଯୋଗାଇ ଦେବା ପାଇଁ TM ତଥା ବାଲାଷ୍ଟ ସାଇଡ଼ିଂର ସମ୍ପ୍ରସାରଣ।

**କାର୍ଯ୍ୟର ଆନୁମାନିକ ମୂଲ୍ୟ (ଟଙ୍କାରେ) :** 6,45,67,606.21, ବିଡ୍ ସିକ୍ୟୁରିଟି (ଟଙ୍କାରେ): 4,72,900/-।

(2)ଇ-ଟେଣ୍ଡର ସଂ.02-eT-DENE-SBP-25

**କାର୍ଯ୍ୟର ନାମ :** ବର୍ଷ 2025-26 ନିମନ୍ତେ ସମ୍ବଲପୁର ମଣ୍ଡଳରେ USFD ପରୀକ୍ଷଣ ନିମନ୍ତେ ସହାୟକ କର୍ମଚାରୀଙ୍କ ନିଯୁକ୍ତି।

**କାର୍ଯ୍ୟର ଆନୁମାନିକ ମୂଲ୍ୟ (ଟଙ୍କାରେ) :** 52,44,305/-, ବିଡ୍ ସିକ୍ୟୁରିଟି (ଟଙ୍କାରେ): 1,04,900/-, ଟେଣ୍ଡର ନଥିପତ୍ରର ମୂଲ୍ୟ (ଟଙ୍କାରେ): 5,900/-।

(3)ଇ-ଟେଣ୍ଡର ସଂ.07-eT-DENE-SBP-25

**କାର୍ଯ୍ୟର ନାମ :** ସମ୍ବଲପୁର ମଣ୍ଡଳର ଝୁମୁରା-କେରେଜାଙ୍ଗା ସେକ୍ସନରେ କି.ମି.66/31-67/17 ଠାରେ କର୍ଭ ନଂ.32(UP) ର ସ୍ଥାୟୀ ଗତି ପ୍ରତିବନ୍ଧକ (PSR) ର ଅପସାରଣ ସମ୍ବନ୍ଧୀୟ P.Way ଏବଂ ଅନ୍ୟ ଆନୁଷଙ୍ଗିକ କାର୍ଯ୍ୟଗୁଡ଼ିକର ସମାଦନ।

**କାର୍ଯ୍ୟର ଆନୁମାନିକ ମୂଲ୍ୟ (ଟଙ୍କାରେ) :** 3,00,41,353.97, ବିଡ୍ ସିକ୍ୟୁରିଟି (ଟଙ୍କାରେ): 3,00,300/-।

କାର୍ଯ୍ୟ ଶେଷ ହେବା ଅବଧି: 12 ମାସ (ସମସ୍ତ ଟେଣ୍ଡର ନିମନ୍ତେ)।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ:** ତା.28.04.2025ରିଖ 1500 ଘଣ୍ଟିକାରେ (ସମସ୍ତ ଟେଣ୍ଡର ପାଇଁ)।

ଏହି ଇ-ଟେଣ୍ଡରଗୁଡ଼ିକ କ୍ଷେତ୍ରରେ ଡାକ/କୋରିୟର/ଫାକ୍ସ ମାଧ୍ୟମରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ପ୍ରକାର ମାନୁଆଲ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ ଏବଂ ଯଥା ସମୟରେ ଗ୍ରହଣ କରାଯାଇଥିବ । ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ।

ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ।

ଦ୍ରଷ୍ଟବ୍ୟ : ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15(ପନ୍ଦର) ଦିନ ପୂର୍ବରୁ ୱେବ୍‌ସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି।

ମଣ୍ଡଳ ରେଳ ପ୍ରବନ୍ଧକ (ଇଞ୍ଜିନିୟରିଙ୍ଗ), ସମ୍ବଲପୁର
PR-22/Q/25-26


See Career Appointment on every Wednesday & Saturday


ବ୍ୟାଙ୍କ ଅଫ୍ ଇଣ୍ଡିଆ Bank of India **BOI**

**ବ୍ୟାଙ୍କ ଅଫ୍ ଇଣ୍ଡିଆ**
ଆଞ୍ଚଳିକ କାର୍ଯ୍ୟାଳୟ: ଷ୍ଟାର ହାଉସ୍, ୧/୧ଡି, ଜୟଦେବ ବିହାର, ନୟାପଲ୍ଲୀ, ଭୁବନେଶ୍ୱର-୭୫୧୦୧୫

**ଡିମାଣ୍ଡ ନୋଟିସ୍**

**ସିକ୍ୟୁରିଟି ଇଣ୍ଟରେଷ୍ଟର ଏନ୍‌ଫୋର୍ସମେଣ୍ଟ ନିମନ୍ତେ ସରଫେଶୀ ଆକ୍ଟ, ୨୦୦୨ ର ଧାରା ୧୩(୨) ଅନୁଯାୟୀ ନୋଟିସ୍**

ବ୍ୟାଙ୍କ ନିମ୍ନଲିଖିତ ଋଣଗ୍ରହୀତାଙ୍କୁ ବିଭିନ୍ନ ସମୟରେ ନିମ୍ନସାରଣୀରେ ଦର୍ଶିତ ଋଣ ପ୍ରଦାନ କରିଥିଲା ଏବଂ ଉକ୍ତ ଋଣ ରାଶିର ବକେୟା ପରିମାଣ ଯଥା ସମୟରେ ପୈଠ ନକରିବାରୁ **ବ୍ୟାଙ୍କ ଅଫ୍ ଇଣ୍ଡିଆ**ର କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଦ୍ୱାରା ସିକ୍ୟୁରିଟାଇଜେସନ୍ ଆଣ୍ଡ ରିକନଷ୍ଟ୍ରକ୍ସନ୍ ଅଫ୍ ଫାଇନାନ୍‌ସିଆଲ୍ ଆସେଟ୍ସ ଆଣ୍ଡ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ର ଧାରା ୧୩(୨) ଅନୁଯାୟୀ **ବ୍ୟାଙ୍କ ଅଫ୍ ଇଣ୍ଡିଆ, ଶୈଳଶ୍ରୀ ବିହାର ଶାଖା**ର ଋଣଗ୍ରହୀତାଙ୍କୁ ବ୍ୟାଙ୍କ ଦେୟ ପଇଠ କରିବା ନିମନ୍ତେ ଡ଼ିମାଣ୍ଡ ନୋଟିସ୍ ଜାରି କରାଯାଇଥିଲା କିନ୍ତୁ ଉକ୍ତ ନୋଟିସ୍ ନିମ୍ନଦର୍ଶିତ ପକ୍ଷମାନଙ୍କୁ ପ୍ରଦାନ କରାଯାଇପାରିନଥିଲା। ତେଣୁ ସେଗୁଡିକର ବିଷୟବସ୍ତୁ ସହିତ ବକେୟା ଦେୟ, ଋଣ ପରିମାଣ ଏବଂ ସୁରକ୍ଷିତ ସମ୍ପତ୍ତିର ସବିଶେଷ ବିବରଣୀ ନିମ୍ନରେ ପ୍ରଦାନ କରାଗଲା।

| ଶୈଳଶ୍ରୀ ବିହାର ଶାଖା / ଋଣଗ୍ରହୀତାଙ୍କ ନାମ ଏବଂ ଠିକଣା | ପ୍ରକାର / ଋଣ ପରିମାଣ | ଏନ୍‌ପିଏ ତାରିଖ / ଡିମାଣ୍ଡ ନୋଟିସ୍ ତାରିଖ | ସରଫେଶୀ ଆକ୍ଟ ଅନୁଯାୟୀ ନୋଟିସ୍ ପ୍ରଦତ୍ତ ରାଶିର ପରିମାଣ | ବନ୍ଧକପ୍ରାପ୍ତ ସମ୍ପତ୍ତିଗୁଡ଼ିକର ବିବରଣୀ |
|---|---|---|---|---|
| **ଋଣଗ୍ରହୀତା:ମେସର୍ସ ସାଇ କ୍ରିଏସନ୍ସ, ସ୍ୱତ୍ୱାଧିକାରୀ: ଶ୍ରୀ ଶକ୍ତି ପ୍ରସାଦ ପଣ୍ଡା,** ପିତା: ତ୍ରିଲୋଚନ ପଣ୍ଡା, **ଠିକଣା-୧:** ସା: ଏଚ୍‌ଆଇଜି ୧୧/୧୧୭, ସତ୍ୟ ସାଇ ଏନ୍‌କ୍ଲେଭ, ମଣିପାଲ ହସ୍ପିଟାଲ ନିକଟ, ଖଣ୍ଡଗିରି, ଭୁବନେଶ୍ୱର-୭୫୧୦୩୦, **ଠିକଣା-୨:** ସା: ଫ୍ଲାଟ୍ ନଂ.: ୧୦୧, କ୍ରିପାଲୁ ରେସିଡେନ୍ସି, ପଟିଆ ଷ୍ଟେସନ୍ ରୋଡ, ଭୁବନେଶ୍ୱର-୭୫୧୦୨୪ | ୧) କ୍ୟାଶ କ୍ରେଡିଟ୍ / ଟ.୨୭,୦୦,୦୦୦/-<br>୨) ଏଫ୍‌ଆଇଟିଏଲ୍ /ଟ.୪,୦୭,୩୦୦/-<br>୩) ଜିଇସିଏଲ୍ /ଟ.୪,୭୦,୦୦୦/-<br>୪) ଜିଇସିଏଲ୍ /ଟ.୩,୪୦,୦୦୦/-<br>ସମୁଦାୟ: ଟ.୩୯,୧୭,୩୦୦/- | ୩୦.୦୩.୨୦୨୫ / ୦୨.୦୪.୨୦୨୫ | ଟ.୩୧,୩୧,୩୦୪.୬୭ + ସେବାବଦ ସୁଧ ଏବଂ ଖର୍ଚ୍ଚ | **୧)** ବନ୍ଧକପ୍ରାପ୍ତ ଫାଇବର ଏବଂ କାଠ ନିର୍ମିତ ଆସବାବପତ୍ରର ଷ୍ଟକ୍, **୨) ଶ୍ରୀମତୀ ଝୁନୁଲତା ପଣ୍ଡା,** ସ୍ୱାମୀ: ତ୍ରିଲୋଚନ ପଣ୍ଡାଙ୍କ ନାମରେ ଥିବା ଜମି ଏବଂ ଗୃହର ସମସ୍ତ ଅଂଶବିଶେଷ ଯାହାର ଖାତା ନଂ.: ୭୭୨/୪୧୩, ପ୍ଲଟ୍ ନଂ.: ୨୨୬୭/୫୨୬୯, କ୍ଷେତ୍ର: ଏକର୦.୦୮ ଡିସିମିଲି, କିସମ: ଘରବାରୀ, ମୌଜା: ନିମପୁର, ଥାନା: ଟାଙ୍ଗି, ଡିଏସ୍‌ଆରଓ: କଟକ, ତହସିଲ: ଟାଙ୍ଗି ଚୌଦ୍ୱାର, ଜିଲ୍ଲା: କଟକ, ଏହାର ଚାରିପାର୍ଶ୍ୱରେ ଉତ୍ତର: ଗୋବିନ୍ଦ ଚନ୍ଦ୍ର ସାହୁ, ଦକ୍ଷିଣ: ରେଣୁବାଳା ମିଶ୍ର, ପୂର୍ବ: ରାସ୍ତା, ପଶ୍ଚିମ: ରେଲୱେ ଜମି |

ଉପରଦର୍ଶିତ **ଶୈଳଶ୍ରୀ ବିହାର ଶାଖା**ର ଋଣଗ୍ରହୀତା, ମୂଳଋଣ/କିସ୍ତି ସୁବିଧା/ସୁଧ ପ୍ରଦାନ କରିବାରେ ବିଫଳ ହୋଇଛନ୍ତି, ତେଣୁ ଭାରତୀୟ ରିଜର୍ଭ ବ୍ୟାଙ୍କର ମାର୍ଗଦର୍ଶିକା ଅନୁସାରେ ଆମ ବ୍ୟାଙ୍କ ଦ୍ୱାରା ସେମାନଙ୍କର ଆକାଉଣ୍ଟକୁ ଅଣକାର୍ଯ୍ୟକାରୀ ସମ୍ପତ୍ତି (**NPA**) ରେ ପରିଣତ କରାଯାଇଛି। ଆମର ବାରମ୍ବାର ଡିମାଣ୍ଡ ସତ୍ତ୍ୱେ ଆପଣ ଆପଣଙ୍କର ଆକାଉଣ୍ଟରେ ବକେୟା ଋଣ ପରିଶୋଧ କରୁନାହାନ୍ତି କି ଆପଣ ନିଜକୁ ଦେୟମୁକ୍ତ କରୁନାହାନ୍ତି। ତେଣୁ ଆମେ କଥିତ ଆକ୍ଟର ଧାରା ୧୩(୨) ଏବଂ ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ ୨୦୦୨ର ରୁଲ୍ ୩ ଅନୁସାରେ ଡ଼ିମାଣ୍ଡ ନୋଟିସ୍ ପ୍ରକାଶନ ନିମନ୍ତେ ବାଧ୍ୟ ହେଉଛୁ। ଏତଦ୍‌ଦ୍ୱାରା ଆପଣଙ୍କୁ ଜଣାଇ ଦିଆଯାଉଅଛି କି ଆପଣ ନୋଟିସ୍ ତାରିଖ ଠାରୁ **୬୦ଦିନ** ମଧ୍ୟରେ ଉପର କଥିତ ବକେୟା ଦେୟ ସହିତ ପରବର୍ତ୍ତୀ ସୁଧ, ଖର୍ଚ୍ଚ,ଆନୁସଙ୍ଗିକ ଖର୍ଚ୍ଚ, ଦେୟ ଇତ୍ୟାଦି ପ୍ରଦାନ କରିବେ, ଅନ୍ୟଥା ଆମେ କଥିତ ଆକ୍ଟର ଧାରା ୧୩(୪) ଅନୁସାରେ ଆପଣଙ୍କର ସୁରକ୍ଷିତ ସମ୍ପତ୍ତିକୁ ଦଖଲ କରି ବିକ୍ରୟ କରିବାକୁ ବାଧ୍ୟ ହେବୁ। ଯଦି ସୁରକ୍ଷିତ ସମ୍ପତ୍ତି ଉପରେ ନିଆଯାଇଥିବା କାର୍ଯ୍ୟାନୁଷ୍ଠାନ ଦ୍ୱାରା ସମ୍ପୂର୍ଣ୍ଣ ବକେୟା ପରିମାଣ ଆଦାୟ ହୋଇନପାରିଲା ତେବେ ବ୍ୟାଙ୍କ ଅଦାଲତ / ଋଣ ଆଦାୟ ପ୍ରାଧିକରଣରେ ଆପଣଙ୍କ ବିରୁଦ୍ଧରେ ମୋକଦ୍ଦମା ଦାଏର କରି ଉପରୋକ୍ତ ବକେୟା ରାଶି ଆଦାୟ କରିବାର ଅଧିକାର ସଂରକ୍ଷିତ ରଖିଅଛି। ଏଠାରେ ଉଲ୍ଲେଖଯୋଗ୍ୟ ଯେ କଥିତ ସରଫେଶୀ ଆକ୍ଟର ଧାରା ୧୩(୮) ଅନୁଯାୟୀ ସୁରକ୍ଷିତ ସମ୍ପତ୍ତିର ବିକ୍ରୟ କିମ୍ବା ସର୍ବସାଧାରଣରେ ନିଲାମ ନିମନ୍ତେ ସର୍ବସାଧାରଣଙ୍କ ଠାରୁ କୋଟେସନ୍ କିମ୍ବା ଟେଣ୍ଡର ଆହ୍ୱାନ କିମ୍ବା ଘରୋଇ ଚୁକ୍ତି ମାଧ୍ୟମରେ ଲିଜ୍, ଆସାଇନମେଣ୍ଟ ଦ୍ୱାରା ସମ୍ପତ୍ତି ହସ୍ତାନ୍ତରିତ ନିମନ୍ତେ ସର୍ବସାଧାରଣ ବିଜ୍ଞପ୍ତି ପ୍ରକାଶନ ତାରିଖ ପର୍ଯ୍ୟନ୍ତ ଯେକୌଣସି ସମୟରେ ବ୍ୟାଙ୍କର ସମସ୍ତ ଦେୟ ସହିତ ଆଇନଗତ ଖର୍ଚ୍ଚ ଓ ଆନୁସଙ୍ଗିକ ଖର୍ଚ୍ଚ ପ୍ରଦାନ କରି ଋଣମୁକ୍ତ ହେବାର ଅଧିକାର ଆପଣଙ୍କ ପାଇଁ ଉପଲବ୍ଧ ରହିଛି । ଅବଗତ କରାଗଲା କି କଥିତ ଆକ୍ଟର ଉପଧାରା (୧୩) ଅନୁଯାୟୀ ଏହି ନୋଟିସ୍ ପ୍ରାପ୍ତି ତାରିଖ ଠାରୁ ଆପଣ ଉପରୋକ୍ତ ସୁରକ୍ଷିତ ସମ୍ପତ୍ତିକୁ ବିକ୍ରୟ, ଲିଜ୍, ଲାଇସେନ୍ସ, ଦାନ, ବନ୍ଧକ କିମ୍ବା ଅନ୍ୟ କୌଣସି ମାଧ୍ୟମରେ ହସ୍ତାନ୍ତର କିମ୍ବା ଏନ୍‌କମ୍ବ୍ରାନ୍ସ ସୃଷ୍ଟି କରିବାକୁ ନିଷେଧ କରାଯାଉଛି। **ଏହି ବିଜ୍ଞପ୍ତି କୌଣସି ଆଇନ ବଳରେ ବ୍ୟାଙ୍କ ଅଧିକାର କ୍ଷୁର୍ଣ୍ଣ ନକରି ଜାରି କରାଯାଉଛି।**

ସ୍ଥାନ : ଭୁବନେଶ୍ୱର, ତାରିଖ : ୧୧.୦୪.୨୦୨୫ — କ୍ଷମତାପ୍ରାପ୍ତ ଅଧିକାରୀ, ବ୍ୟାଙ୍କ ଅଫ୍ ଇଣ୍ଡିଆ

# ଦିଲ୍ଲୀରେ ପହଞ୍ଚିବା ପରେ ତହଉର ରାଣା ଗିରଫ

ନୂଆଦିଲ୍ଲୀ,୧୦।୪

୨୬/୧୧ ମୁମ୍ବାଇ ଆତଙ୍କବାଦୀ ଆକ୍ରମଣ ଘଟଣାରେ ସମ୍ପୃକ୍ତି ନେଇ ଭାରତର ମୋଷ୍ଟୱାଣ୍ଟେଡ୍ ତାଲିକାରେ ଥିବା ତହଉର ହୁସେନ୍ ରାଣା ଆମେରିକାରୁ ପ୍ରତ୍ୟର୍ପଣରେ ଆସି ଗୁରୁବାର ଅପରାହ୍ଣରେ ଦିଲ୍ଲୀର ପାଲାମ ବିମାନବନ୍ଦରରେ ଅବତରଣ କରିବା ପରେ ତାଙ୍କୁ ଗିରଫ କରାଯାଇଛି। ବିମାନବନ୍ଦରରେ ଉପସ୍ଥିତ ଥିବା ଜାତୀୟ ତଦନ୍ତକାରୀ ଏଜେନ୍ସି (ଏନ୍ଆଇଏ)ର ଅଧିକାରୀମାନେ ତାଙ୍କୁ ଗିରଫ କରିଛନ୍ତି। କେତେକ ପ୍ରାରମ୍ଭିକ ଔପଚାରିକତା ପରେ ତାଙ୍କୁ ଏନ୍ଆଇଏ ମୁଖ୍ୟାଳୟକୁ ନିଆଯିବ। ଏଥିସହିତ ତାଙ୍କୁ ଦିଲ୍ଲୀର ପଟିଆଲା ହାଉସ୍ କୋର୍ଟରେ ହାଜର କରାଯିବ ବୋଲି ଜଣାପଡ଼ିଛି। ପରେ ତାଙ୍କୁ ଦିଲ୍ଲୀର କଡ଼ା ସୁରକ୍ଷା ବ୍ୟବସ୍ଥା ମଧ୍ୟରେ ଥିବା ତିହାର ଜେଲ୍‌ରେ ରଖାଯାଇପାରେ ଏବଂ ବିଚାରଲାଗି ମୁମ୍ବାଇ ନିଆଯାଇପାରେ ବୋଲି କେତେକ ସୂତ୍ରରୁ ଜଣାପଡ଼ିଛି।

ଆମେରିକାରୁ ବୁଧବାର ଏକ ସ୍ୱତନ୍ତ୍ର ବିମାନ ୬୪ ବର୍ଷୀୟ ତହଉର୍‌ଙ୍କୁ ଆଣି ଭାରତ ଆସିଥିଲା। ତାଙ୍କ ବିରୋଧରେ ଆପରାଧିକ ଷଡ଼ଯନ୍ତ୍ର, ଭାରତ ସରକାରଙ୍କ ବିରୋଧରେ ଯୁଦ୍ଧରେ ଲିପ୍ତ ହେବା, ହତ୍ୟା, ଜାଲିଆତି ଏବଂ ବେଆଇନ କାର୍ଯ୍ୟକଳାପ (ପ୍ରତିକାର) ଆଇନ ଅଧୀନରେ ବିଭିନ୍ନ ଅଭିଯୋଗ ଲାଗିଛି। ରାଣା ଭାରତରେ ପହଞ୍ଚିବା ପୂର୍ବରୁ ବୁଧବାର ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ୍ ଶାହା, ବହିର୍ବ୍ୟାପାର ମନ୍ତ୍ରୀ ଏସ୍. ଜୟଶଙ୍କର ଏବଂ ଜାତୀୟ ସୁରକ୍ଷା ପରାମର୍ଶଦାତା (ଏନ୍ଏସ୍ଏ) ଅଜିତ ଡୋଭାଲ ଏକ ବୈଠକରେ ଯୋଗଦେଇଥିଲେ। ୨୬/୧୧ ଆକ୍ରମଣର ମୁଖ୍ୟ ଅଭିଯୁକ୍ତଙ୍କୁ ଆଣିବାରେ ଆମେ ସଫଳ ହୋଇଛୁ ବୋଲି ଏନ୍ଆଇଏ ଗୁରୁବାର କହିଛି। ଦୀର୍ଘବର୍ଷର ଉଦ୍ୟମ ପରେ ଆକ୍ରମଣର ମୁଖ୍ୟ ଷଡ଼ଯନ୍ତ୍ରକାରୀ ଭାରତ ଫେରି ଏଠାରେ ବିଚାରର ସମ୍ମୁଖୀନ ହେବାକୁ ଯାଉଛନ୍ତି। ତହଉରଙ୍କୁ ଭାରତ ଆଣିବା ଦିଗରେ ଆମେରିକାର ନ୍ୟାୟ ବିଭାଗ ଏବଂ ସ୍କାଏ ମାର୍ଶାଲଙ୍କ ସହ ଏନ୍ଆଇଏ ଏବଂ ଅନ୍ୟ ଗୋଇନ୍ଦା ସଂସ୍ଥାଗୁଡ଼ିକ କାର୍ଯ୍ୟ କରୁଥିଲେ। ତହଉରଙ୍କୁ ଭାରତରେ ବିଚାରର ସମ୍ମୁଖୀନ ହେବା ପାଇଁ ପ୍ରତ୍ୟର୍ପଣ କରାଯିବ ବୋଲି ପ୍ରଧାନମନ୍ତ୍ରୀ ମୋଦିଙ୍କ ଗସ୍ତ ପରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଘୋଷଣା କରିଥିଲେ।

୨୦୦୮ ନଭେମ୍ବର ୨୬ରେ ମୁମ୍ବାଇରେ ପାକିସ୍ତାନୀ ଆତଙ୍କବାଦୀ ଆକ୍ରମଣ କରିଥିଲେ। ଏଥିରେ ବିଦେଶୀଙ୍କ ସମେତ ୧୬୬ ଜଣଙ୍କ ମୃତ୍ୟୁ ଘଟିଥିଲା। ଆକ୍ରମଣରେ ସିକାଗୋରେ ରହୁଥିବା ଭାରତୀୟ ବଂଶୋଦ୍ଭବ କାନାଡ଼ା ନାଗରିକ ତହଉର ରାଣାଙ୍କ ମୁଖ୍ୟ ଭୂମିକା ଥିଲା। ସେ ଆକ୍ରମଣ ପାଇଁ ଆବଶ୍ୟକ ଲଜିଷ୍ଟିକ୍ ଏବଂ ଆର୍ଥିକ ସହାୟତା ଯୋଗାଇଥିଲେ ବୋଲି ପାକିସ୍ତାନୀ-ଆମେରିକୀୟ ଆତଙ୍କବାଦୀ ଡାଭିଡ୍ କୋଲେମାନ୍ ହେଡ୍‌ଲି କହିଥିଲେ। ମୁମ୍ବାଇରେ ଇମିଗ୍ରାଣ୍ଟ ଲ' ସେଣ୍ଟରର ସ୍ଥାପନ ସାଙ୍ଗକୁ ବିଭିନ୍ନ କାର୍ଯ୍ୟରେ ରାଣା ହେଡ୍‌ଲିଙ୍କୁ ସହଯୋଗ କରିଥିବା ଚାର୍ଜଶିଟ୍‌ରେ କୁହାଯାଇଛି। ଉକ୍ତ ସଂସ୍ଥାର ପ୍ରତିନିଧି ଭାବେ ହେଡ୍‌ଲି ଭାରତର ବିଭିନ୍ନ ସହରକୁ ଗସ୍ତ କରୁଥିଲେ। ତହଉର ମଧ୍ୟ ୨୦୦୮ ନଭେମ୍ବରରେ ଭାରତ ଆସିଥିଲେ। କୋପେନ୍‌ହେଗେନ୍‌ର ଏକ ଖବର କାଗଜ ସଂସ୍ଥା ଉପରେ ଆକ୍ରମଣ ଯୋଜନା ଏବଂ ମୁମ୍ବାଇ ଆକ୍ରମଣରେ ସମ୍ପୃକ୍ତ ପାକିସ୍ତାନର ଲଶ୍କର-ଇ-ତୋଇବା ଆତଙ୍କବାଦୀ ସଂଗଠନକୁ ସହାୟତା କରିଥିବା ଅଭିଯୋଗରେ ତହଉରଙ୍କୁ ୨୦୦୯ ଅକ୍ଟୋବରରେ ଆମେରିକାର ଫେଡେରାଲ ବ୍ୟୁରୋ ଅଫ୍ ଇନ୍‌ଭେଷ୍ଟିଗେଶନ ସିକାଗୋରୁ ଗିରଫ କରିଥିଲା। ପ୍ରତ୍ୟର୍ପଣକୁ ରାଣା ଏକାଧିକ ଥର ବିଭିନ୍ନ କାରଣ ଦର୍ଶାଇ ଆମେରିକା କୋର୍ଟରେ ଚ୍ୟାଲେଞ୍ଜ କରିଥିଲେ। ତେବେ ଅଦାଲତ ତାଙ୍କ ଆବେଦନକୁ ଖାରଜ କରିଦେବା ଫଳରେ ତାଙ୍କ ପ୍ରତ୍ୟର୍ପଣ ପାଇଁ ବାଟ ଫିଟିଯାଇଥିଲା।



# ଆର୍‌ଟିଆଇ ଆଇନରେ ସଂଶୋଧନକୁ ଜୋର୍‌ଦାର ବିରୋଧ

## ପ୍ରତ୍ୟାହାର ଦାବିକଲା ଇଣ୍ଡିଆ ବ୍ଲକ୍

ନୂଆଦିଲ୍ଲୀ,୧୦।୪

ଡିଜିଟାଲ ପର୍ସନାଲ ଡେଟା ପ୍ରୋଟେକ୍ସନ ଆକ୍ଟ (ଡିପିଡିପି)ର ଧାରା ୪୪(୩)କୁ ତୁରନ୍ତ ପ୍ରତ୍ୟାହାର କରିନେବା ପାଇଁ ବିରୋଧୀ ଇଣ୍ଡିଆ ବ୍ଲକ୍ ଗୁରୁବାର ଦାବି କରିଛି। ଏହି ଧାରା ତଥ୍ୟ ଜାଣିବା ଅଧିକାର (ଆର୍‌ଟିଆଇ) ଆଇନକୁ ଧ୍ୱଂସ କରିଦେବ ବୋଲି ବିରୋଧୀ ଦଳଗୁଡ଼ିକ କହିଛନ୍ତି। ଲୋକ ସଭାର ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀଙ୍କ ସମେତ ଇଣ୍ଡିଆ ବ୍ଲକ୍‌ର ୧୨୦ରୁ ଊର୍ଦ୍ଧ୍ୱ ଏମ୍‌ପି ଉକ୍ତ ବିବାଦୀୟ ଧାରାକୁ ପ୍ରତ୍ୟାହାର କରାଯିବା ଦାବିରେ ମିଳିତ ସ୍ମାରକପତ୍ରରେ ସ୍ୱାକ୍ଷର କରିଥିବା କଂଗ୍ରେସ ନେତା ଗୌରବ ଗୋଗୋଇ ଏକ ମିଳିତ ଖବରଦାତା ସମ୍ମିଳନୀରେ ସୂଚନା ଦେଇଛନ୍ତି। ଏହି ସ୍ମାରକପତ୍ର ସୂଚନା ଓ ପ୍ରଯୁକ୍ତି ମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବଙ୍କୁ ପ୍ରଦାନ କରାଯିବ। ଖବରଦାତା ସମ୍ମିଳନୀରେ ଡିଏମ୍‌କେର ଏମ୍.ଏମ୍. ଅବଦୁଲ୍ଲା, ଶିବସେନା(ୟୁବିଟି)ର ପ୍ରିୟଙ୍କା ଚତୁର୍ବେଦୀ, ସିପିଆଇ(ଏମ୍)ର ଜନ୍ ବ୍ରିଟାସ୍, ସମାଜବାଦୀ ପାର୍ଟି ନେତା ଜାଭେଦ ଅଲି ଖାନ୍ ଏବଂ ଆର୍‌ଜେଡିରୁ ନଭାଲ କିଶୋର ଉପସ୍ଥିତ ଥିଲେ।

ଆର୍‌ଟିଆଇ ଆଇନ, ୨୦୦୫ର ଧାରା ୮(୧)(ଜେ) ପରିବର୍ତ୍ତେ ଲାଗୁ ହେବାକୁ ଯାଉଥିବା ଡିପିଡିପି ଆଇନର ଧାରା ୪୪(୩)କୁ ନାଗରିକ ଅଧିକାର କର୍ମୀମାନେ ବିରୋଧ କରିଛନ୍ତି। ଯଦି କୌଣସି ବ୍ୟକ୍ତିଗତ ସୂଚନା ସାଧାରଣ କାର୍ଯ୍ୟକଳାପ କିମ୍ବା ସ୍ୱାର୍ଥ ସହ ଜଡ଼ିତ ନୁହେଁ ଅଥବା ପ୍ରିଭେସି ଉଲ୍ଲଂଘନ ସମ୍ଭାବନା ଥାଏ, ସେପରି ସ୍ଥଳେ ଆର୍‌ଟିଆଇ ଆଇନର ଧାରା ୮(୧)(ଜେ) ତାହାକୁ ସ୍ଥଗିତ ରଖିବା ପାଇଁ ଅନୁମତି ଦେଉଥିଲା। ସୂଚନା ପ୍ରଘଟ କରିବା ଦ୍ୱାରା ଯଦି ବୃହତ୍ତର ଜନସ୍ୱାର୍ଥ ରକ୍ଷା ହୋଇପାରିବ ବୋଲି କେନ୍ଦ୍ରୀୟ ଜନସୂଚନା ଅଫିସର, ରାଜ୍ୟ ଜନସୂଚନା ଅଫିସର କିମ୍ବା ଆପିଲେଟ୍ କର୍ତ୍ତୃପକ୍ଷ ବିଚାର କରନ୍ତି, ତେବେ ତାହାକୁ ଉପଲବ୍ଧ କରାଇପାରିବେ। ଡିପିଡିପି ଆଇନର ଧାରା ୪୪(୩) ଲାଗୁ ହେଲେ ସରକାରୀ କର୍ତ୍ତୃପକ୍ଷ ବ୍ୟକ୍ତିଗତ ସୂଚନା ସମ୍ପର୍କିତ ତଥ୍ୟ ସ୍ଥଗିତ ରଖିପାରିବେ। ଏଥିପାଇଁ ଜନସ୍ୱାର୍ଥ କିମ୍ବା ଅନ୍ୟକୌଣସି ବ୍ୟତିକ୍ରମକୁ ବିଚାରକୁ ନିଆଯିବ ନାହିଁ। ସର୍ବସାଧାରଣ ଅନୁଷ୍ଠାନଗୁଡ଼ିକର ସ୍ୱଚ୍ଛତା ଏବଂ ଉତ୍ତରଦାୟିତ୍ୱ ସମ୍ପର୍କରେ ଜାଣିବା ପାଇଁ ନାଗରିକଙ୍କୁ ଆର୍‌ଟିଆଇ କ୍ଷମତା ଦେଇଥିଲା।

# ୯୦ ଦିନ ଅଟକିଲା ଟ୍ରମ୍ପଙ୍କ ଟାରିଫ୍

■ ବିଶ୍ୱ ଶେୟାର କାରବାରରେ ବଡ଼ ଅଗ୍ରଗତି

■ ୧୦ ସବୁଠୁ ଧନୀଙ୍କ ସମ୍ପତ୍ତି ୧୩୫ ବିଲିୟନ ଡଲାର ବୃଦ୍ଧି

ୱାଶିଂଟନ,୧୦।୪

ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ନିଜ ଆଭିମୁଖ୍ୟରେ ପରିବର୍ତ୍ତନ କରି ବିଭିନ୍ନ ରାଷ୍ଟ୍ର ଉପରେ ଲଗାଇଥିବା ରେସିପ୍ରୋକାଲ ଟାରିଫ୍ (ପାଲ୍‌ଟା ଶୁଳ୍କ)କୁ ୯୦ଦିନ ସ୍ଥଗିତ ରଖିଛନ୍ତି। ଟ୍ରମ୍ପଙ୍କ ଏହି ନିଷ୍ପତ୍ତିର ଦିନକ ପରେ ଗୁରୁବାର ବିଶ୍ୱ ଷ୍ଟକ୍ ମାର୍କେଟରେ ଉଲ୍ଲେଖନୀୟ ଅଗ୍ରଗତି ଦେଖାଦେଇଛି। ନିବେଶକମାନେ ଟ୍ରମ୍ପଙ୍କ ନିଷ୍ପତ୍ତିକୁ ସ୍ୱାଗତ କରିଛନ୍ତି।

ଜାପାନ ଶେୟାର ବଜାର କାରବାର ୯ ପ୍ରତିଶତରୁ ଅଧିକ ବଢ଼ିଥିବାବେଳେ ଜର୍ମାନୀର ଡିଏଏକ୍ସ କାରବାର ଆରମ୍ଭରେ ୮%ରୁ ଅଧିକ ଲାଭବାନ ହୋଇଥିଲା। ପରେ ଏହା ୫.୩% ବଢ଼ି ୨୦.୭୨୦.୮୬ ରହିଥିବାବେଳେ ଫ୍ରାନ୍ସର ସିଏସି୪୦ ୫% ବଢ଼ି ୭,୨୦୪.୨୩ ଏବଂ ବ୍ରିଟେନ୍‌ର ଏଫ୍‌ଟିଏସ୍‌ଇ୧୦୦ ମଧ୍ୟ ୪ ପ୍ରତିଶତ ବୃଦ୍ଧି ପାଇ ୭,୯୮୩.୩୭ରେ ପହଞ୍ଚିଛି। ଟ୍ରମ୍ପ ୯୦ ଦିନ ପାଇଁ ଟାରିଫ୍ ସ୍ଥଗିତ ରଖିବାକୁ ନିଷ୍ପତ୍ତି ନେବା ପରେ ବିଶ୍ୱର ୧୦ ଜଣ ସର୍ବାଧିକ ଧନୀ ବିଲିୟନେୟାର ମୋଟ ୧୩୫.୩୩ ବିଲିୟନ ଡଲାର ଲାଭବାନ ହୋଇଥିବା ବ୍ଲୁମ୍‌ବର୍ଗ ବିଲିୟନେୟାର୍ସ ଇଣ୍ଡେକ୍ସରୁ ଜଣାପଡ଼ିଛି। କେବଳ ଏଲନ୍ ମସ୍କ, ଜେଫ୍ ବେଜୋସ୍ ଏବଂ ମାର୍କ ଜୁକେରବର୍ଗ ୮୦ ବିଲିୟନ ଡଲାର ଫାଇଦା ଉଠାଇଛନ୍ତି। ଅନ୍ୟପକ୍ଷରେ ଏଲ୍‌ଭିଏମ୍‌ଏଚ୍‌ର ବର୍ନାର୍ଡ ଅର୍ନଲ୍ଟଙ୍କ ବଜାର ପୁଞ୍ଜି ୫.୭ ବିଲିୟନ ଡଲାର ହ୍ରାସ ପାଇ ୧୪୮ ବିଲିୟନ ଡଲାରରେ ପହଞ୍ଚିଛି। ବିଶ୍ୱର ସର୍ବଶ୍ରେଷ୍ଠ ଧନୀ ମସ୍କଙ୍କ ସମ୍ପତ୍ତି ୩୫.୯ ବିଲିୟନ ଡଲାର ବୃଦ୍ଧି ପାଇ ୩୨୬ ବିଲିୟନ ଡଲାରରେ ପହଞ୍ଚିଥିବାବେଳେ ମେଟା ସିଇଓ ଜୁକେରବର୍ଗଙ୍କ ଶେୟାର ୨୫.୮ ବିଲିୟନ ବଢ଼ି ୨୦୭ ବିଲିୟନ ଡଲାରରେ ପହଞ୍ଚିଛି। ସେହିପରି ଆମାଜନ ପ୍ରତିଷ୍ଠାତା ଜେଫ୍ ବେଜୋସଙ୍କ ସମ୍ପତ୍ତି ୧୮.୫ ବିଲିୟନ ବଢ଼ି ୨୧୦ ବିଲିୟନ ଡଲାର ହୋଇଛି। ୱାରେନ୍ ବଫେଟ୍‌ଙ୍କ ସମ୍ପତ୍ତି ୮.୧ ବିଲିୟନ ବଢ଼ି ୧୬୨ ବିଲିୟନ ଡଲାର ହୋଇଥିବାବେଳେ ଓରାକ୍ଲର ଲାରି ଏଲିସନଙ୍କ ସମ୍ପତ୍ତି ୧୫.୫ ବିଲିୟନ ବଢ଼ି ୧୫୯ ବିଲିୟନ ଡଲାରରେ ପହଞ୍ଚିଛି। ମାଇକ୍ରୋସଫ୍ଟ ସହପ୍ରତିଷ୍ଠାତା ବିଲ୍ ଗେଟ୍ସଙ୍କ ସମ୍ପତ୍ତି ୪.୮ ବିଲିୟନ, ଗୁଗଲ୍‌ର ଲାରି ପେଜ୍‌ଙ୍କ ସମ୍ପତ୍ତି ୧୧ ବିଲିୟନ ଏବଂ ମାଇକ୍ରୋସଫ୍ଟର ଷ୍ଟିଭ୍ ବାଲମେରଙ୍କ ସମ୍ପତ୍ତି ୧୧.୨ ବିଲିୟନ ଡଲାର ବଢ଼ିଛି।

ସୂଚନାଯୋଗ୍ୟ, ଆମେରିକା ବିଭିନ୍ନ ଦେଶ ଉପରେ ଉଚ୍ଚ ଟାରିଫ୍ ଲଗାଇବାକୁ ଘୋଷଣା କରିବା ପରେ ବିଶ୍ୱ ବଜାରରେ ଅଚଳାବସ୍ଥା ସହ ମାନ୍ଦାବସ୍ଥା ସୃଷ୍ଟି ହେବା ଆଶଙ୍କା ପ୍ରକାଶ ପାଇଥିଲା।

## ପାଲଟା ଟାରିଫ୍‌କୁ ୯୦ ଦିନ ରୋକିଲା ଇୟୁ

ବ୍ରସେଲ୍ସ,୧୦।୪

ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ରେସିପ୍ରୋକାଲ ଟାରିଫ୍ କାର୍ଯ୍ୟକାରିତାକୁ ୯୦ ଦିନ ସ୍ଥଗିତ ରଖିବା ପରେ ୟୁରୋପୀୟ ସଂଘ (ଇୟୁ) ମଧ୍ୟ ଆମେରିକା ସାମଗ୍ରୀ ଉପରେ ଲଗାଇବାକୁ ଥିବା ପାଲଟା ଶୁଳ୍କକୁ ୯୦ ଦିନ ଅଟକାଇବାକୁ ନିଷ୍ପତ୍ତି ନେଇଛି। ବୁଝାମଣା ପାଇଁ ଏକ ସୁଯୋଗ ଦେବା ନିମନ୍ତେ ଆମେ ଟାରିଫ୍ ସ୍ଥଗିତ ରଖିବାକୁ ନିଷ୍ପତ୍ତି ନେଇଛୁ ବୋଲି ଇୟୁ ମୁଖ୍ୟ ଉର୍ସୁଲା ଭନ୍ ଡେର୍ ଲେୟେନ୍ ଗୁରୁବାର କହିଛନ୍ତି। ତେବେ ଆମେରିକା ସାମଗ୍ରୀ ଉପରେ ୨୭ ସଦସ୍ୟ ରାଷ୍ଟ୍ର ବିଶିଷ୍ଟ ଇୟୁ କେତେ ପ୍ରତିଶତ ଶୁଳ୍କ ଲଗାଇଥାନ୍ତା, ତାହା ଘୋଷଣା କରିନାହିଁ। ଯଦି ବୁଝାମଣା ସନ୍ତୋଷଜନକ ନହୁଏ, ତେବେ ଆମେ ପାଲଟା ଶୁଳ୍କ ଲାଗୁ କରିବୁ ବୋଲି ୟୁରୋପୀୟ କମିଶନ ଅଧ୍ୟକ୍ଷ କହିଛନ୍ତି।



ସ୍ଲୋଭାକିଆ ଗସ୍ତରେ ଥିବା ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଗୁରୁବାର ସ୍ଥାନୀୟ ପିଲାଙ୍କ ଦ୍ୱାରା ଆୟୋଜିତ ଏକ ଚିତ୍ର ପ୍ରଦର୍ଶନୀ ପରିଦର୍ଶନ କରିବା ଅବସରରେ।

# ଜେଡିୟୁ ନେତାଙ୍କୁ ଗୁଳିକରି ହତ୍ୟା

ପାଟନା, ୧୦।୪


ବିହାରର ଖଗଡ଼ିଆରେ ଗୁରୁବାର କେତେଜଣ ଦୁର୍ବୃତ୍ତ ସଂଯୁକ୍ତ ଜନତା ଦଳ(ଜେଡିୟୁ)ର ଖଗଡ଼ିଆ ଜିଲା ମହାସଚିବ କୌଶଲ ସିଂଙ୍କୁ ଗୁଳିକରି ହତ୍ୟା କରିଛନ୍ତି। କୌଶଲ ସ୍ତ୍ରୀଙ୍କ ସହ ବାଇକରେ ଘରକୁ ଯାଉଥିବା ସମୟରେ ଚୌଥନ ଥାନା କୈଥୀରୁ ଜୟପ୍ରଭା ନଗର ମଧ୍ୟରେ କେତେଜଣ ଦୁର୍ବୃତ୍ତ ତାଙ୍କ ବାଇକକୁ ରାସ୍ତାରେ ଅଟକାଇ ତାଙ୍କ ଉପରେ ଗୁଳି ଚଳାଇଥିଲେ। ଗୁଳି ମାରିବା ପରେ ଦୁର୍ବୃତ୍ତମାନେ ଘଟଣାସ୍ଥଳରୁ ଫେରାର ହୋଇଯାଇଥିଲେ। କୌଶଲଙ୍କୁ ତୁରନ୍ତ ହସ୍ପିଟାଲ ନିଆଯାଇଥିବାବେଳେ ସେଠାରେ ତାଙ୍କର ମୃତ୍ୟୁ ହୋଇଥିଲା। ତାଙ୍କ ମୃତଦେହକୁ ବ୍ୟବଚ୍ଛେଦ ପାଇଁ ପଠାଯାଇଛି। ଏହି ହତ୍ୟାକାଣ୍ଡକୁ ନେଇ ପୋଲିସର ତନାଘନା ଜାରି ରହିଛି। ଅଭିଯୁକ୍ତମାନଙ୍କୁ ଖୁବ୍‌ଶୀଘ୍ର ଗିରଫ କରାଯିବ ବୋଲି ଖଗଡ଼ିଆ ଏସ୍‌ପି ରାକେଶ କୁମାର କହିଛନ୍ତି। ପାରିବାରିକ ବିବାଦରୁ ଏହି ହତ୍ୟାକାଣ୍ଡ ଘଟିଥିବା ନେଇ ପୋଲିସ ସନ୍ଦେହ କରୁଛି। ପ୍ରକାଶ ଯେ, କୌଶଲ ହେଉଛନ୍ତି ବେଲ୍‌ଦୌରର ଜେଡିୟୁ ବିଧାୟକ ଲାଲ ସିଂ ପଟେଲଙ୍କର ଭଣଜା।

# ଡକ୍ୟୁମେଣ୍ଟାରି ପାଇଁ ମେଲାନିଆ-ବେଜୋସ୍ ୪୦ ମିଲିୟନ ଡଲାର ଡିଲ୍

ୱାଶିଂଟନ, ୧୦।୪

ଆମେରିକାର ଫାର୍ଷ୍ଟ ଲେଡି ମେଲାନିଆ ଟ୍ରମ୍ପ ସମ୍ପ୍ରତି ଆମାଜନ ପ୍ରାଇମ ଭିଡିଓ ସହ ମିଶି ତାଙ୍କ ଜୀବନକୁ ନେଇ ଆଧାରିତ ଏକ ଡକ୍ୟୁମେଣ୍ଟାରି ଫିଲ୍ମର ପ୍ରସ୍ତୁତିରେ ବ୍ୟସ୍ତ ଅଛନ୍ତି। ଏଥିପାଇଁ ସେ ଆମାଜନ ପ୍ରତିଷ୍ଠାତା ତଥା ଏକ୍‌ଜିକ୍ୟୁଟିଭ ଚେୟାରମ୍ୟାନ ଜେଫ୍ ବେଜୋସ୍‌ଙ୍କ ସହ ୪୦ ମିଲିୟନ ଆମେରିକୀୟ ଡଲାରର ଡିଲ୍ କରିଛନ୍ତି। ସମ୍ପ୍ରତି ଫିଲ୍ମର ଶୁଟିଂ ଚାଲିଥିବାବେଳେ ମେଲାନିଆ ଏକ୍‌ଜିକ୍ୟୁଟିଭ ପ୍ରଡ୍ୟୁସର ଭାବେ ଫିଲ୍ମ ନିର୍ମାଣ ପ୍ରକ୍ରିୟାରେ ସାମିଲ ଅଛନ୍ତି। ବ୍ରେଟ୍ ରାଟନରଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମର କିଛି ଦୃଶ୍ୟରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଓ ତାଙ୍କ ପୁଅ ବାରୋନ୍ ଟ୍ରମ୍ପ ମଧ୍ୟ ନଜରକୁ ଆସିବେ ବୋଲି ବିଭିନ୍ନ ରିପୋର୍ଟ ପ୍ରକାଶ ପାଇଛି। ଚଳିତବର୍ଷ ଶେଷ ଆଡ଼କୁ ଏହି ଫିଲ୍ମ ରିଲିଜ୍ ହେବ।

ୱାଲ୍ ଷ୍ଟ୍ରିଟ୍ ଜର୍ନାଲର ରିପୋର୍ଟ ଅନୁଯାୟୀ, ଗତ ଡିସେମ୍ବରରେ ଫ୍ଲୋରିଡାସ୍ଥିତ ମାର୍-ଏ-ଲାଗୋ ରିସର୍ଟରେ ଏକ ଡିନର ବେଳେ ଆମାଜନ ପ୍ରତିଷ୍ଠାତା ଜେଫ୍ ବେଜୋସ ଓ ତାଙ୍କ ଗର୍ଲଫ୍ରେଣ୍ଡ ଲୌରେନ ସାଞ୍ଚେଜଙ୍କ ସହ ମେଲାନିଆ ଏହି ଡକ୍ୟୁମେଣ୍ଟାରି ସମ୍ପର୍କରେ ଆଲୋଚନା କରିଥିଲେ। ଏହି ଆଲୋଚନାରେ ଉକ୍ତ ଡକ୍ୟୁମେଣ୍ଟାରି ଫିଲ୍ମକୁ ନେଇ ମେଲାନିଆ ଓ ବେଜୋସ୍‌ଙ୍କ ମଧ୍ୟରେ ୪୦ ମିଲିୟନ ଡଲାରର ଡିଲ୍ ଚୂଡ଼ାନ୍ତ ହୋଇଥିଲା। ତେବେ ବେଜୋସ୍‌ଙ୍କ ସହ ଆଲୋଚନା ପୂର୍ବରୁ ମେଲାନିଆ ଓ ତାଙ୍କ ଟିମ୍ ଏହି ଡକ୍ୟୁମେଣ୍ଟାରିର ନିର୍ମାଣ ପାଇଁ ଅନେକ ଷ୍ଟୁଡିଓ ଓ ଧନୀ ବ୍ୟକ୍ତିଙ୍କ ସହ ସମ୍ପର୍କ କରିଥିଲେ। ଟ୍ରମ୍ପଙ୍କ ଶପଥ ଗ୍ରହଣରେ ସାମିଲ ହୋଇଥିବା ଅନେକ ବିଜ୍‌ନେସ୍ ଲିଡର ଓ ସିଇଓଙ୍କ ସହ ମଧ୍ୟ ମେଲାନିଆ ଆଲୋଚନା କରିଥିଲେ। ତେବେ ଡକ୍ୟୁମେଣ୍ଟାରି ଫିଲ୍ମ ନେଇ ମେଲାନିଆଙ୍କର ଡିଲ୍ ପ୍ରସ୍ତାବ ସେତେବେଳେ ଚୂଡ଼ାନ୍ତ ହୋଇ ପାରି ନ ଥିଲା।



ମେଲାନିଆ ଟ୍ରମ୍ପ

ଆମେରିକୀୟ ଟିଭି ଶୋ' ଫକ୍ସ ଆଣ୍ଡ୍ ଫ୍ରେଣ୍ଡସ୍‌କୁ ସାକ୍ଷାତ୍‌କାର ଦେଇ ମେଲାନିଆ କହିଛନ୍ତି, ଏହି ଡକ୍ୟୁମେଣ୍ଟାରି ଫିଲ୍ମରେ ତାଙ୍କ ଦୈନନ୍ଦିନ ଜୀବନଚର୍ଯ୍ୟାକୁ ଦେଖିବାକୁ ମିଳିବ। ଆମେରିକାର ଫାର୍ଷ୍ଟ ଲେଡି ଭାବେ ତାଙ୍କ କାର୍ଯ୍ୟକୁ ଏହି ଫିଲ୍ମରେ ଗୁରୁତ୍ୱ ଦିଆଯାଇଛି। ହ୍ୱାଇଟହାଉସରେ ଫାର୍ଷ୍ଟ ଲେଡି ଭାବେ ତାଙ୍କର ବିଭିନ୍ନ ଭୂମିକା, ସେ ସାମ୍ନା କରିଥିବା ବିଭିନ୍ନ ଜଟିଳ ପରିସ୍ଥିତି ଏବଂ ହ୍ୱାଇଟହାଉସରେ ଟ୍ରମ୍ପଙ୍କର ପ୍ରତ୍ୟାବର୍ତ୍ତନ କାହାଣୀକୁ ଏହି ଫିଲ୍ମରେ ଦେଖିବାକୁ ମିଳିବ ବୋଲି ମେଲାନିଆ କହିଛନ୍ତି।

ପୂର୍ବରୁ ମେଲାନିଆଙ୍କ ଆତ୍ମଜୀବନୀକୁ ଅନେକ ପାଠକ ପସନ୍ଦ କରିଥିବାରୁ ଏହାକୁ ଡକ୍ୟୁମେଣ୍ଟାରି ଫିଲ୍ମ ଭାବେ ପ୍ରସ୍ତୁତ କରିବାକୁ ତାଙ୍କ ମନରେ ବିଚାର ଆସିଥିଲା ବୋଲି ମେଲାନିଆ କହିଛନ୍ତି। ତାଙ୍କ ଆତ୍ମଜୀବନୀ ପୁସ୍ତକକୁ ପଢ଼ି ଅନେକ ପାଠକ ଏବଂ ପ୍ରଶଂସକମାନେ ତାଙ୍କୁ ଚିଠି ଏବଂ ମେସେଜ୍ ପଠାଉଥିବା ସେ କହିଛନ୍ତି। ତେବେ ଆମାଜନ ପ୍ରାଇମ ଭିଡିଓରେ ରିଲିଜ୍ ହେବା ପୂର୍ବରୁ ମେଲାନିଆଙ୍କ ଏହି ଡକ୍ୟୁମେଣ୍ଟାରିକୁ ସୀମିତ ସିନେମା ହଲ୍‌ରେ ରିଲିଜ୍ କରାଯିବ ବୋଲି ରିପୋର୍ଟ ପ୍ରକାଶ ପାଇଛି।

# ହରିଦ୍ୱାର ଜେଲରେ ୧୫ କଏଦୀ ଏଚ୍ଆଇଭି ପଜିଟିଭ



ଡେରାଡୁନ୍, ୧୦।୪

ଉତ୍ତରାଖଣ୍ଡର ହରିଦ୍ୱାର ଜେଲରେ ୧୫ କଏଦୀ ଏଚ୍ଆଇଭି ପଜିଟିଭ ଚିହ୍ନଟ ହୋଇଛନ୍ତି। ଘଟଣାକୁ ନେଇ ବରିଷ୍ଠ ଜେଲ ଅଧୀକ୍ଷକ ମନୋଜ କୁମାର ଆର୍ଯ୍ୟ କହିଛନ୍ତି, ଗତ ଏପ୍ରିଲ ୭ରେ ବିଶ୍ୱ ସ୍ୱାସ୍ଥ୍ୟ ଦିବସ ଅବସରରେ ଜେଲରେ ଏକ ସ୍ୱାସ୍ଥ୍ୟ ଶିବିର ଆୟୋଜିତ ହୋଇଥିଲା। ଏହି ଶିବିରରେ ଜେଲର କଏଦୀମାନଙ୍କର ସ୍ୱାସ୍ଥ୍ୟ ଯାଞ୍ଚ କରାଯାଇଥିଲା, ଯେଉଁଥିରେ ୧୫ ଜଣ ଏଚ୍ଆଇଭି ପଜିଟିଭ୍ ଚିହ୍ନଟ ହୋଇଛନ୍ତି। ଏଚ୍ଆଇଭି ପଜିଟିଭ କଏଦୀଙ୍କର ସ୍ୱାସ୍ଥ୍ୟ ପରୀକ୍ଷା ପାଇଁ ଜେଲରେ ପୃଥକ ବାରାକ୍ ନିର୍ମାଣ କରାଯାଇଥିବା ସେ କହିଛନ୍ତି। ସମ୍ପ୍ରତି ହରିଦ୍ୱାର ଜେଲରେ ୧୧୦୦ରୁ ଅଧିକ କଏଦୀ ରହୁଛନ୍ତି। ପୂର୍ବରୁ ମଧ୍ୟ ଏହି ଜେଲରେ କେତେଜଣ କଏଦୀ ଏଚଆଇଭି ଚିହ୍ନଟ ହୋଇଥିଲେ ବୋଲି ମନୋଜ କହିଛନ୍ତି।

ଫୁର୍‌ସତ

# ନିରାପଦ ମାତୃତ୍ୱ ଓ ସୁସ୍ଥ ଶିଶୁ

## ନିରାପଦ ମାତୃତ୍ୱ ଦିବସ ଉପଲକ୍ଷେ

ମାତୃତ୍ୱ ପ୍ରଭୁଙ୍କର ଏକ ସାର୍ଥକ ସୃଷ୍ଟି, ଏକ ସୁନ୍ଦର ସ୍ୱପ୍ନ। ସେ ସ୍ୱପ୍ନ ସାକାର ହୁଏ, ଯେତେବେଳେ ମା'ର କୋଳ ପୂର୍ଣ୍ଣ କରି ଏକ ସୁସ୍ଥ ଶିଶୁଟିଏ ଜନ୍ମନିଏ। ତେବେ ମାତୃତ୍ୱର ଏ ପଥ ସବୁବେଳେ ନିରାପଦ ନୁହେଁ। ଟିକିଏ ଅସାବଧାନ ହେଲେ ଗର୍ଭଜନିତ ଓ ପ୍ରସବଜନିତ ଜଟିଳତା ଦେଖାଦେଇଥାଏ ଏବଂ ମା' ସହ ଶିଶୁର ଜୀବନ ବିପଦାପନ୍ନ ହୋଇଥାଏ। ଏକବିଂଶ ଶତାବ୍ଦୀରେ ପ୍ରତ୍ୟେକ ମିନିଟ୍‌ରେ ପୃଥିବୀର କୌଣସି ନା କୌଣସି ସ୍ଥାନରେ ନିଶ୍ଚିତ ଭାବରେ ଜଣେ ମହିଳା ଗର୍ଭଜନିତ ତଥା ପ୍ରସବଜନିତ କାରଣରୁ ମୃତ୍ୟୁବରଣ କରିଥାନ୍ତି। ଗୋଟିଏ ମା'ର ମୃତ୍ୟୁ ଏକ ପରିବାରର କ୍ଷତି ନୁହେଁ, ଏହା ଏକ ସାମାଜିକ କ୍ଷତି, ଏହା ସାରା ଦେଶର କ୍ଷତି। ପ୍ରତ୍ୟେକ ବର୍ଷ ଏପ୍ରିଲ ୧୧ ତାରିଖ ଦିନ ସାରା ଭାରତରେ ଜାତୀୟ ମାତୃତ୍ୱ ଦିବସ ପାଳନ କରାଯାଉଛି। ଏହା ଜାତୀୟ ପିତା ମହାତ୍ମା ଗାନ୍ଧୀଙ୍କ ପତ୍ନୀ କସ୍ତୁରବା ଗାନ୍ଧୀଙ୍କ ଜନ୍ମ ଶତବାର୍ଷିକୀ ୨୦୦୩ ମସିହାରୁ ପାଳନ କରାଯାଉଛି। ଏହାର ମୂଳଲକ୍ଷ୍ୟ ହେଉଛି ପ୍ରତ୍ୟେକ ଗର୍ଭବତୀ ନାରୀଙ୍କ ଗର୍ଭାବସ୍ଥାରେ, ପ୍ରସବ ସମୟରେ ତଥା ପ୍ରସବ ପରେ ସମସ୍ତ ପ୍ରକାର ଯତ୍ନ ନେଇ ଭାରତରେ ମାତୃ ମୃତ୍ୟୁ ହାର କମାଇବା, ନିରାପଦ ମାତୃତ୍ୱ ପାଇଁ ସଚେତନତା ସୃଷ୍ଟି କରିବା। କାରଣ ଉପଯୁକ୍ତ ଭାବରେ ଚିକିତ୍ସା ପାଇ ଏକ ନିରାପଦ ମାତୃତ୍ୱ ଲାଭ କରିବା ହେଉଛି ପ୍ରତ୍ୟେକ ଗର୍ଭବତୀ ନାରୀର ଅଧିକାର।

ପ୍ରତ୍ୟେକ ମାତୃ ମୃତ୍ୟୁ ବା ମାଟରନାଲ ମୋର୍ଟାଲିଟି ସହ ପ୍ରାୟ ୧୫ ଜଣ ମହିଳା ଦୁର୍ବଳ ଓ ରୁଗ୍‌ଣ ସ୍ୱାସ୍ଥ୍ୟ ସହ ବଞ୍ଚିରହନ୍ତି (ମାଟରନାଲ ମୋର୍ବିଡିଟି) ଏବଂ ଏଥିପାଇଁ ପରିବାରରୁ ବିତାଡିତ ମଧ୍ୟ ହୋଇଥାନ୍ତି। ତେଣୁ ବିଶ୍ୱ ସ୍ୱାସ୍ଥ୍ୟ ସଂସ୍ଥାର ଏକ ସମ୍ମିଳନୀରେ ଡା. ମାଲକମ୍ ପଟମ୍ କହିଥିଲେ ଯେ ପୃଥିବୀରେ ମାତୃ ମୃତ୍ୟୁ ଏଭଳି ଭାବରେ ଘଟୁଛି ଯେପରି ଏକ ବିରାଟ ଜେଟ୍ ବିମାନ ପ୍ରତି ଚାରି ଘଣ୍ଟାରେ ଭୟାବହ ଦୁର୍ଘଟଣାର ଶିକାର ହେଉଛି ଏବଂ ତା' ଭିତରେ ବସିଥିବା ପ୍ରାୟ ୨୫୦ ମହିଳା ଯାତ୍ରୀ ଏକା ସାଙ୍ଗରେ ମୃତ୍ୟୁମୁଖରେ ପଡୁଛନ୍ତି। ସାରା ବିଶ୍ୱରେ ପ୍ରତିବର୍ଷ ମାତୃ ମୃତ୍ୟୁ ସଂଖ୍ୟା ୬ଲକ୍ଷ। ଏହା ମଧ୍ୟରୁ ୯୯ ଭାଗ ମୃତ୍ୟୁ ପ୍ରାୟ ବିକାଶୋନ୍ମୁଖୀ ଦେଶରେ ଘଟିଥାଏ। ସାରା ବିଶ୍ୱର ଶତକଡା ୪୬ ଭାଗ ମାତୃ ମୃତ୍ୟୁ କେବଳ ଭାରତ, ପାକିସ୍ତାନ ଏବଂ ବାଂଲାଦେଶରେ ହୋଇଥାଏ।

ଦ୍ରୁତ ଗତିରେ ହେଉଥିବା ମାତୃ ମୃତ୍ୟୁ ହାରକୁ ରୋକିବା ପାଇଁ ବିଶ୍ୱ ସ୍ୱାସ୍ଥ୍ୟ ସଂସ୍ଥା (WHO) ୧୯୮୭ ମସିହାରେ ନାଇରୋବି କେନିଆଠାରେ ନିରାପଦ ମାତୃତ୍ୱର କେତେକ ପଦକ୍ଷେପ ଗ୍ରହଣ କରିବା ପାଇଁ ନିଷ୍ପତ୍ତି ନେଲା। ଏହାର ଉଦ୍ଦେଶ୍ୟ ଥିଲା ଝିଅ ଓ ମା' ମାନଙ୍କ ଜୀବନଯାପନଶୈଳୀକୁ ସ୍ୱାସ୍ଥ୍ୟ ଓ ସାମାଜିକ ସ୍ତରରେ ଅଭିବୃଦ୍ଧି କରିବା। ପ୍ରଗତିବାଦୀ ରାଷ୍ଟ୍ରଗୁଡ଼ିକରେ ୨୨ଜଣ ପ୍ରତି ୧ଲକ୍ଷରେ ହେବା ବେଳେ ପ୍ରଗତିଶୀଳ ରାଷ୍ଟ୍ରଗୁଡିକରେ ଏହାର ମାତ୍ରା ୨୦ଜଣ ଅଧିକ ଏବଂ ୨୦୨୦ ସୁଦ୍ଧା ମାତୃ ମୃତ୍ୟୁ ହାର ଶତକଡ଼ା ୮୦ ଭାଗ ଓ ଶିଶୁ ମୃତ୍ୟୁ ହାର ଶତକଡ଼ା ୪୦ ଭାଗ କମାଇବା ପାଇଁ ସ୍ଥିର କରାଯାଇଥିଲା। ଏହି ନିରାପଦ ମାତୃତ୍ୱର ପ୍ରଥମ ଯତ୍ନ ମା' ଗର୍ଭରେ ଥିବା ଶିଶୁଠାରୁ ହିଁ ଆରମ୍ଭ ହୋଇଥାଏ।



**ମାତୃ ମୃତ୍ୟୁର କାରଣ-**

**ପ୍ରତ୍ୟକ୍ଷ କାରଣ-** ଏହା ୭୫ ଶତକଡ଼ା ଅବାଞ୍ଛିତ ଓ ଦୂଷିତ ଗର୍ଭପାତ, ୧୩ ପ୍ରତିଶତ ଅସ୍ଥାନିକ (ଡିମ୍ବବାହୀ ନଳୀରେ) ଗର୍ଭପାତ, ୭ ପ୍ରତିଶତ ଉଚ୍ଚ ରକ୍ତଚାପ ଓ ବାତ, ୧୨ ପ୍ରତିଶତ ଗର୍ଭପାତ ପୂର୍ବରୁ ଓ ପରେ ରକ୍ତସ୍ରାବ, ୨୫ ପ୍ରତିଶତ ବ୍ୟାହତ ଗର୍ଭପାତ, ୮ ପ୍ରତିଶତ ଦୂଷିତ, ୧୫ ପ୍ରତିଶତ ସୂତିକା ଜ୍ୱର।

**ପରୋକ୍ଷ କାରଣ** - ୨୫ ପ୍ରତିଶତ ରକ୍ତହୀନତା, ହୃଦ୍‌ବକ୍ଷ ରୋଗ, ମଧୁମେହ, ଥାଇରଏଡ୍, କାମଳ ରୋଗ ଏବଂ ମ୍ୟାଲେରିଆ।

କେଉଁ କାରଣ ଯୋଗୁ ଏହା ହୋଇଥାଏ-

**ବୟସ-** ୧୫ବର୍ଷରୁ କମ୍ କିମ୍ବା ୩୫ ବର୍ଷରୁ ଅଧିକ ମହିଳା, ଅଳ୍ପ ବ୍ୟବଧାନରେ ବାରମ୍ବାର ଗର୍ଭଧାରଣ ଓ ଅଧିକ ସନ୍ତାନ ଜନ୍ମ କରିଥିବା ମା', ଦାରିଦ୍ର୍ୟ, ଅର୍ଥ ଓ ଶିକ୍ଷା ଅଭାବ, ଗର୍ଭାବସ୍ଥାରେ ଯତ୍ନ ଓ ଗର୍ଭପାତ ପରେ ଯତ୍ନର ଅଭାବ, ଅବାଞ୍ଛିତ ଗର୍ଭପାତ।

ମାତୃ ମୃତ୍ୟୁର ପ୍ରଥମ ଓ ପ୍ରଧାନ କାରଣ ହେଉଛି ମହିଳାମାନଙ୍କର ଶୋଚନୀୟ ସାମାଜିକ ସ୍ଥିତି। ଏହାଛଡ଼ା ଲିଙ୍ଗଭେଦ ଓ ଲିଙ୍ଗଗତ ବୈଷମ୍ୟ ମଧ୍ୟ ମାତୃ ମୃତ୍ୟୁର ଅନ୍ୟ ଏକ କାରଣ। ଅନେକ ମହିଳା ନିରକ୍ଷର ହୋଇଥିବାରୁ ଉପାର୍ଜନକ୍ଷମ ହୋଇପାରନ୍ତି ନାହିଁ ଏବଂ ସମ୍ବଳହୀନ ହୋଇଥାନ୍ତି, ସେମାନେ ପ୍ରାଥମିକ ସ୍ତରରେ ଶିକ୍ଷାଦାନରୁ ମଧ୍ୟ ବଞ୍ଚିତ ହୋଇଥାନ୍ତି। ଏହାଛଡ଼ା ସେମାନେ ଘରକାମ ସହ ପ୍ରଚୁର କାମ କରି କ୍ଳାନ୍ତ ହୋଇପଡ଼ନ୍ତି। ଘରେ ସବା ଶେଷରେ ଖାଆନ୍ତି ଏବଂ ସବୁଠାରୁ କମ୍ ଖାଆନ୍ତି। କେବଳ ସେତିକି ନୁହେଁ, ପ୍ରସୂତିକାଳୀନ କୌଣସି ପରୀକ୍ଷା ବା ସାହାଯ୍ୟ ନେଇପାରନ୍ତି ନାହିଁ, ସୁଷମ ଖାଦ୍ୟ ଖାଆନ୍ତି ନାହିଁ କିମ୍ବା ଡାକ୍ତରଖାନାରେ ପ୍ରସବ କଥା ତ ଦୂରର କଥା ବିଶେଷଜ୍ଞ, ଅଭିଜ୍ଞ ଚିକିତ୍ସକ ବା ତାଲିମପ୍ରାପ୍ତ ଅଭିଜ୍ଞ ଧାଈ ବା ସେବିକାଙ୍କ ସାହାଯ୍ୟ ନେଇପାରନ୍ତି ନାହିଁ।

କୈଶୋର ଅବସ୍ଥାରେ ସ୍ୱାସ୍ଥ୍ୟର ଯତ୍ନ, ଯୌନଶିକ୍ଷା ସହ ରକ୍ତହୀନତା, ପୁଷ୍ଟିହୀନତା, ବିପଦପୂର୍ଣ୍ଣ ଗର୍ଭପାତ, ମାନସିକ ସ୍ତରରେ ଅପରିପକ୍ୱତାକୁ ଦୂର କରାଯାଇପାରିବ। ପ୍ରାଥମିକ ସ୍ତରରୁ ରୋଗ ଜଟିଳତା ଚିହ୍ନଟୀକରଣ ତଥା ଗୁରୁତର ରୋଗୀଙ୍କୁ ରେଫରାଲ ହସ୍‌ପିଟାଲକୁ ସ୍ଥାନାନ୍ତରିତ କରିବା ଅତି ଜରୁରୀ।

ନିରାପଦ ମାତୃତ୍ୱର ଗୁରୁତ୍ୱ- ଗର୍ଭାବସ୍ଥାରେ ପ୍ରଥମ ସୋପାନରୁ ମା'ର ଯତ୍ନ ନିଆଗଲେ ମା'ମାନେ ନିଶ୍ଚିତ ମୃତ୍ୟୁମୁଖରୁ ବଞ୍ଚିଯାଇପାରିବେ। ଏଥିପାଇଁ ପରିବାର ତଥା ଗାଁ ଗହଳିରେ ସଚେତନତା ସୃଷ୍ଟି ସର୍ବୋଦୌ ଜରୁରୀ। ମହିଳାମାନଙ୍କ ପାଇଁ ଖାଦ୍ୟ ଓ ଶିକ୍ଷାର ମାନ ବଢାଇବାକୁ ହେଲେ ସମାଜରେ ତାଙ୍କ ସ୍ଥିତିର ଉନ୍ନତି କରିବା ଉଚିତ। ତେଣୁ ଏକବିଂଶ ଶତାବ୍ଦୀରେ ନିରାପଦ ମାତୃତ୍ୱ ଓ ସୁସ୍ଥ ଶିଶୁ ପାଇଁ ପଦକ୍ଷେପଗୁଡ଼ିକ ହେଲା ଆମ ଦେଶରେ 'ଏମର୍ଜେନ୍‌ସି ଅବଷ୍ଟେଟ୍ରିକ୍ ସର୍ଭିସ୍' ତ୍ୱରାନ୍ୱିତ କରିବା। ଏହାଛଡ଼ା ନାରୀ ଶିକ୍ଷାର ଅଗ୍ରଗତି, ନାରୀମାନଙ୍କ ପାଇଁ ଉପଯୁକ୍ତ କର୍ମସଂସ୍ଥାନ ଦେବା ଜରୁରୀ। ପରିବାର ନିୟନ୍ତ୍ରଣର ବିଭିନ୍ନ ଉପାୟମାନ ରେଡିଓ, ଟେଲିଭିଜନ ଓ ଖବରକାଗଜ ଜରିଆରେ ଗ୍ରାମାଞ୍ଚଳରେ ପରିବେଷଣ କରିବା ଆବଶ୍ୟକ। ବିକାଶଶୀଳ ଦେଶ ଭଳି ଆମ ଭାରତବର୍ଷରେ ମଧ୍ୟ ଅନେକ ନାରୀ ସଫଳତାର ଶୀର୍ଷତମ ସ୍ଥାନରେ ପହଞ୍ଚିଛନ୍ତି। ତେଣୁ ଏକ ଆତ୍ମତୃପ୍ତିର ସ୍ମିତହାସ୍ୟ ସହ ମା' ଓ ସୁସ୍ଥ ଶିଶୁର ପରିକଳ୍ପନା ହିଁ ଆମକୁ ଆମର ଲକ୍ଷ୍ୟସ୍ଥଳରେ ପହଞ୍ଚାଇ ଦେବ।

- ଡା. ସରୋଜିନୀ ଷଡ଼ଙ୍ଗୀ,
ସ୍ତ୍ରୀରୋଗ ଓ ପ୍ରସୂତି ବିଶେଷଜ୍ଞ, ଲିଙ୍କ୍ ରୋଡ୍, କଟକ - ୧୨

# ମହିଳା ହକିର ସଫଳ ବିନ୍ଧାଣି

**ଦୀର୍ଘ ୧୫ ବର୍ଷ ଧରି ଭାରତୀୟ ମହିଳା ହକିର ସେବା ପରେ ଅବସର ଘୋଷଣା କରିଛନ୍ତି ତାରକା ଫରୱାର୍ଡ ବନ୍ଦନା କାଟରିଆ। ଦେଢ଼ ଦଶନ୍ଧିରୁ ଊର୍ଦ୍ଧ୍ୱ ଭାରତୀୟ ମହିଳା ହକି ଦଳର ସଫଳତାରେ ସେ ସାଜିଥିଲେ ଅନ୍ୟତମ ମୁଖ୍ୟ ବିନ୍ଧାଣି। ଭାରତ ପକ୍ଷରୁ ସର୍ବାଧିକ ମ୍ୟାଚ ଖେଳିବାର ଗୌରବ ମଧ ସେ ଲାଭ କରିଛନ୍ତି। ଅନ୍ତର୍ଜାତୀୟ ହକିକୁ ଅଲ୍‌ବିଦା ଜଣାଇଥିଲେ ହେଁ ବନ୍ଦନା ଏଚ୍‌ଆଇଏଲ୍ ଓ ଅନ୍ୟ ଘରୋଇ ପ୍ରତିଯୋଗିତାରେ ଖେଳିବେ ବୋଲି ସ୍ପଷ୍ଟ କରିଛନ୍ତି...**

ଭାରତୀୟ ମହିଳା ହକିକୁ ଦୀର୍ଘ ୧୫ ବର୍ଷର ସେବା ପରେ ଅବସର ଘୋଷଣା କରିଛନ୍ତି ତାରକା ଫରୱାର୍ଡ ବନ୍ଦନା କାଟରିଆ। ଦେଢ଼ ଦଶନ୍ଧିରୁ ଊର୍ଦ୍ଧ୍ୱ ଭାରତୀୟ ମହିଳା ହକି ଦଳର ସଫଳତାରେ ସେ ସାଜିଥିଲେ ଅନ୍ୟତମ ମୁଖ୍ୟ ବିନ୍ଧାଣି। କେବଳ ସେତିକି ନୁହେଁ ଭାରତ ପକ୍ଷରୁ ସର୍ବାଧିକ ମ୍ୟାଚ ଖେଳିବାର ଗୌରବ ମଧ ସେ ଲାଭ ହାସଲ କରିଥିବା ଭାରତୀୟ ଦଳର ମଧ ସେ ଗୁରୁତ୍ୱପୂର୍ଣ୍ଣ ଅଂଶ ଥିଲେ। ଆର୍ଜେଣ୍ଟିନାର ଲୁସିଆନା ଆୟିମର ଥିଲେ ତାଙ୍କ ଆଦର୍ଶ ଖେଳାଳି। ଭାରତୀୟ ମହିଳା ହକିପ୍ରତି ଅବଦାନକୁ ଦୃଷ୍ଟିରେ ରଖି ୨୦୨୧ରେ ତାଙ୍କୁ ଅର୍ଜୁନ ଓ ୨୦୨୨ ମାର୍ଚ୍ଚରେ ପଦ୍ମଶ୍ରୀ ପୁରସ୍କାରରେ ସମ୍ମାନିତ କରାଯାଇଥିଲା।

ସେତେବେଳେ ଉତ୍ତର ପ୍ରଦେଶ (ବର୍ତ୍ତମାନ ଉତ୍ତରାଖଣ୍ଡ) ହରିଦ୍ୱାର ଜିଲାର ରୋଶନାବାଦରେ ଜନ୍ମଗ୍ରହଣ କରିଛନ୍ତି। ୧୯୯୨ ଏପ୍ରିଲ ୧୫ରେ ଜନ୍ମଗ୍ରହଣ କରିଥିବା ବନ୍ଦନା ଦେଶ ପକ୍ଷରୁ ୩୨୦ ମ୍ୟାଚରେ ପ୍ରତିନିଧିତ୍ୱ କରି ମୋଟ ୧୫୮ଟି ଗୋଲ ସ୍କୋର କରିଛନ୍ତି। ଏହା ତାଙ୍କ ଫିଟ୍‌ନେସ ଓ ଦକ୍ଷତାର ପ୍ରମାଣ ଦେଇଥାଏ।



ଦିଲୀପ ତିର୍କୀଙ୍କଠାରୁ ପୁରସ୍କାର ଗ୍ରହଣ ଅବସରରେ ବନ୍ଦନା।

**"ମୁଁ ଅନ୍ତର୍ଜାତୀୟ ହକିରୁ ଦୂରକୁ ଯିବାର ନିଷ୍ପତ୍ତି ନେଇଛି। ଏହା ପଛର କାରଣ ନୁହେଁ ଯେ, ମୋ ଭିତରେ ଦେଶ ପାଇଁ ଖେଳିବା ଲାଗି ଥିବା ଭୋକ ମରି ଯାଇଛି। ମୁଁ ମୋ କ୍ୟାରିୟରର ଶୀର୍ଷରେ ଥାଇ ବିଦାୟ ନେବାକୁ ଚାହେଁ। ଥକି ପଡ଼ିଥିବାରୁ ନୁହେଁ, ବରଂ ମୁଁ ମୁଣ୍ଡ ଟେକି ଅନ୍ତର୍ଜାତୀୟ ହକି ଛାଡ଼ିବାକୁ ନିଷ୍ପତ୍ତି ନେଇଛି। ଦର୍ଶକଙ୍କ କୋଳାହଳ, ପ୍ରତ୍ୟେକ ଗୋଲର ରୋମାଞ୍ଚ ଓ ଭାରତୀୟ ଜର୍ସି ପିନ୍ଧିବାର ଗର୍ବ ମୋ ହୃଦୟରେ ସର୍ବଦା ରହିବ"**

**– ବନ୍ଦନା କାଟରିଆ**

୨୦୧୩ ଜୁନିୟର ମହିଳା ହକି ବିଶ୍ୱକପରେ ଚମତ୍କାର ପ୍ରଦର୍ଶନ କରି ସମସ୍ତଙ୍କୁ ପ୍ରଭାବିତ କରନ୍ତି ବନ୍ଦନା। ଏହି ସମ୍ମାନଜନକ ପ୍ରତିଯୋଗିତାରେ ଭାରତ ବ୍ରୋଞ୍ଜ ପଦକ ଜିତିଥିବାବେଳେ ସେ ହୋଇଥିଲେ ଟପ୍ ସ୍କୋରର। ଟୁର୍ନାମେଣ୍ଟରେ ୫ ଗୋଲ ଦେଇଥିବା ବନ୍ଦନା ଆଉ ପଛକୁ ଫେରି ଚାହିଁ ନ ଥିଲେ। ୨୦୧୪ ଏସିଆନ ଗେମ୍ସରେ ବ୍ରୋଞ୍ଜ ପଦକ ବିଜୟୀ ଭାରତୀୟ ଦଳର ସେଥିଲେ ଅନ୍ୟତମ ସଦସ୍ୟା। ୨୦୧୬ ରିଓ ଅଲିମ୍ପିକ୍ସରେ ସେ ଭାରତ ପକ୍ଷରୁ ପ୍ରତିନିଧିତ୍ୱ କରିଥିଲେ। ୨୦୨୦ ଟୋକିଓ ଅଲିମ୍ପିକ୍ସରେ ଐତିହାସିକ ଚତୁର୍ଥ ସ୍ଥାନ କରିଥିଲେ ବନ୍ଦନା। ହରିଦ୍ୱାରସ୍ଥିତ ବିଏଚଇଏଲ୍‌ରେ ତାଙ୍କ ବାପା ଜଣେ ମାଷ୍ଟର ଟେକ୍ନିସିଆନ ଥିଲେ। ଗତ କିଛିବର୍ଷ ଧରି ଯେଉଁ କେତେଜଣ ଖେଳାଳିଙ୍କ ପ୍ରଦର୍ଶନରେ ବ୍ୟାପକ ଉନ୍ନତି ହୋଇଥିଲା ତା' ମଧ୍ୟରେ ବନ୍ଦନା ଅନ୍ୟତମ। ୨୦୦୬ରେ ସେ ଜୁନିୟର ଅନ୍ତର୍ଜାତୀୟ ପଦାର୍ପଣ କରିଥିବାବେଳେ ୨୦୦୯ରେ ସିନିୟର ସ୍ତରରେ ପ୍ରଥମେ ଜାତୀୟ ଦଳରୁ ପ୍ରତିନିଧିତ୍ୱ କରିଥିଲେ। ରୁଷିଆର କାଜାନରେ ଅନୁଷ୍ଠିତ ଏଫ୍‌ଆଇଏଚ୍ ଚାମ୍ପିୟନ୍ସ ଚ୍ୟାଲେଞ୍ଜ–୨ ଟୁର୍ନାମେଣ୍ଟ ଥିଲା ସିନିୟର ସ୍ତରରେ ତାଙ୍କର ପ୍ରଥମ ଅନ୍ତର୍ଜାତୀୟ ପ୍ରତିଯୋଗିତା। ୨୦୧୩ ଜୁନିୟର ବିଶ୍ୱକପରେ ବ୍ରୋଞ୍ଜ ପଦକ ଜିତିବାପରେ ଗଣମାଧ୍ୟମ ପ୍ରତିନିଧିମାନେ ପ୍ରଥମଥରପାଇଁ ତାଙ୍କ ବାପାଙ୍କ ସାକ୍ଷାତକାର ନେଇଥିଲେ। ଏହା ତାଙ୍କୁ ଖୁବ୍ ଗର୍ବିତ କରିଥିଲା ବୋଲି ପ୍ରକାଶ କରିଥିଲେ ବନ୍ଦନା। ୨୦୧୪ ଗ୍ଲାସ୍‌ଗୋ ରାଜ୍ୟଗୋଷ୍ଠୀ କ୍ରୀଡ଼ାରେ କାନାଡ଼ା ବିପକ୍ଷରେ କ୍ୟାରିୟରର ୧୦୦ତମ ମ୍ୟାଚ ଖେଳିଥିଲେ ଏହି ଦକ୍ଷ ଫରୱାର୍ଡ। ସେହିବର୍ଷ ସେ ହକି ଇଣ୍ଡିଆର ପ୍ଲେୟର ଅଫ୍ ଦି ଇୟର ପୁରସ୍କାର ମଧ ପାଇଥିଲେ। ୨୦୨୪–୧୫ ଏଫ୍‌ଆଇଏଚ୍ ହକି ୱାର୍ଲ୍ଡ ଲିଗ୍‌ରେ ଭାରତ ଚାମ୍ପିୟନ ହୋଇଥିବାବେଳେ ବନ୍ଦନା ଟପ୍ ସ୍କୋରର ଭାବେ ୧୧ ଗୋଲ ସ୍କୋର କରିଥିଲେ।

୨୦୧୬ ନଭେମ୍ବରରେ ସେ ଭାରତୀୟ ଦଳର ଅଷ୍ଟ୍ରେଲିଆ ଟୁର୍ ପାଇଁ ଅଧିନାୟିକା ଭାବେ ଅପରିବର୍ତ୍ତିତ ରହିଥିଲେ। ସେଠାରେ ଭାରତ ନଭେମ୍ବର ୨୩ରୁ ୩୦ ପର୍ଯ୍ୟନ୍ତ ଟେଷ୍ଟ ସିରିଜ ଖେଳିଥିଲା। ୨୦୧୮ ଏସିଆନ ଚାମ୍ପିୟନ୍ସ ଟ୍ରଫି ଫାଇନାଲରେ କୋରିଆଠାରୁ ହାରି ଭାରତ ରନରଅପ୍ ହୋଇଥିଲେ ମଧ ବନ୍ଦନା ପ୍ଲେୟର ଅଫ୍ ଦି ଟୁର୍ନାମେଣ୍ଟ ପୁରସ୍କାର ପାଇଥିଲେ। ୨୦୧୮ରେ ଭାରତୀୟ ଦଳ ସ୍ପେନ୍ ଗସ୍ତରେ ଥିବାବେଳେ ୫ ମ୍ୟାଚ ବିଶିଷ୍ଟ ସିରିଜର ୩ୟ ମ୍ୟାଚ ଖେଳି ସେ ୨୦୦ ମାଇଲଖୁଣ୍ଟ ସ୍ପର୍ଶ କରିଥିଲେ। ଏହାପରେ ସେ ଭାରତୀୟ ବିଶ୍ୱକପ ଦଳରେ ସାମିଲ ହୋଇଥିଲେ। ୨୦୨୦ ଟୋକିଓ ଅଲିମ୍ପିକ୍ସରେ ବନ୍ଦନା ପ୍ରଥମ ଭାରତୀୟ ମହିଳା ଭାବେ ହ୍ୟାଟ୍ରିକ ଗୋଲ ସ୍କୋର କରିଥିଲେ। ମାତ୍ର ସେମିଫାଇନାଲରେ ଆର୍ଜେଣ୍ଟିନାଠାରୁ ଭାରତ ହାରିବା ପରେ ତାଙ୍କ ପରିବାରକୁ ଜାତିଭିତ୍ତିକ ନିନ୍ଦା ଶୁଣିବାକୁ ମିଳିଥିଲା। ଦଳରେ ଅଧିକ ଦଳିତ ଖେଳାଳି ରହିଥିବାରୁ ଭାରତ ସେମିଫାଇନାଲରେ ହାରିଲା ବୋଲି କିଛି ଉଚ୍ଚଜାତିର ଲୋକ କହିବା ସହ ତାଙ୍କ ପରିବାରକୁ ଗାଳିଗୁଲଜ କରିଥିଲେ। ୨୦୨୧ ଅଗଷ୍ଟ ୮ରେ ତାଙ୍କୁ 'ବେଟୀ ବଚାଓ ବେଟୀ ପଢ଼ାଓ' ଅଭିଯାନର ଅନ୍ୟତମ ଆମ୍ବାସାଡର ନିଯୁକ୍ତ କରାଯାଇଥିଲା। କାଟାରିଆ ଗତ ଫେବୃଆରୀରେ ଭୁବନେଶ୍ୱରରେ ଅନୁଷ୍ଠିତ ଏଫ୍‌ଆଇଏଚ୍ ପ୍ରୋ ଲିଗରେ ଭାରତ ପାଇଁ ଅନ୍ତିମ ମ୍ୟାଚ ଖେଳିଥିଲେ।

ଅନ୍ତର୍ଜାତୀୟ ହକିକୁ ଅଲ୍‌ବିଦା ଜଣାଇଥିଲେ ହେଁ ସେ ସମ୍ପୂର୍ଣ୍ଣଭାବେ ହକିରୁ ଅବସର ନେଉନାହାନ୍ତି ବୋଲି ବନ୍ଦନା ସ୍ପଷ୍ଟ କରିଛନ୍ତି। "ମୁଁ ମୋ ଷ୍ଟିକ ଛାଡୁ ନାହିଁ। ମୁଁ ହକି ଇଣ୍ଡିଆ ଲିଗ ଓ ଅନ୍ୟ ଟୁର୍ନାମେଣ୍ଟରେ ଖେଳିବା ଓ ସ୍କୋର କରିବା ଜାରି ରଖିବି। ମୋତେ ମିଳିଥିବା ଭଲ ପାଇବା, ଅନୁଭୂତି ଓ ସ୍ମୃତିକୁ ନେଇ ଆଗକୁ ବଢ଼ିବି ବୋଲି ବନ୍ଦନା ପ୍ରକାଶ କରିଛନ୍ତି।

### ସଂକ୍ଷେପରେ...

ନାମ: ବନ୍ଦନା କାଟରିଆ
ଜନ୍ମ: ୧୫ ଏପ୍ରିଲ, ୧୯୯୨, ରୋଶନାବାଦ, ଉତ୍ତର ପ୍ରଦେଶ (ଏବେ ଉତ୍ତରାଖଣ୍ଡ)
ପ୍ଲେଇଂ ପୋଜିଶନ: ଫରୱାର୍ଡ
ଜାତୀୟ ଦଳରୁ ପ୍ରତିନିଧିତ୍ୱ (୨୦୦୯ରୁ ୨୦୨୫)
ମ୍ୟାଚ: ୩୨୦, ଗୋଲ୍: ୧୫୮।
ପଦକ ରେକର୍ଡ
ଏସିଆନ ଗେମ୍ସ: ୨୦୧୮ ଜାକର୍ତ୍ତା–ରୌପ୍ୟ, ୨୦୧୪ ଇଞ୍ଚିଅନ–ବ୍ରୋଞ୍ଜ, ୨୦୨୨ ହାଙ୍ଗଝୋ–ବ୍ରୋଞ୍ଜ।
ରାଜ୍ୟଗୋଷ୍ଠୀ କ୍ରୀଡ଼ା: ୨୦୨୨ ବର୍ମିଂହାମ–ବ୍ରୋଞ୍ଜ।
ଏସିଆ କପ୍: ୨୦୧୭ ଗିଫୁ–ସ୍ୱର୍ଣ୍ଣ, ୨୦୧୩ କୁଆଲାଲମ୍ପୁର–ବ୍ରୋଞ୍ଜ, ୨୦୨୨ ମସ୍କଟ–ବ୍ରୋଞ୍ଜ।
ଏସିଆନ ଚାମ୍ପିୟନ୍ସ ଟ୍ରଫି: ୨୦୧୬ ସିଙ୍ଗାପୁର–ସ୍ୱର୍ଣ୍ଣ, ୨୦୨୩ ରାଞ୍ଚି–ସ୍ୱର୍ଣ୍ଣ, ୨୦୧୩ କାକାମିଗହରା–ରୌପ୍ୟ, ୨୦୧୮ ଡୋଙ୍ଗେ–ରୌପ୍ୟ।
ଏଫ୍‌ଆଇଏଚ୍ ନେସନ୍ସ କପ୍: ୨୦୨୨ ସ୍ପେନ୍–ସ୍ୱର୍ଣ୍ଣ।
ଜୁନିୟର ବିଶ୍ୱକପ: ୨୦୧୩ ମନଚେନ୍‌ଗ୍ଲାଡବ୍ୟାକ୍–ବ୍ରୋଞ୍ଜ।

**ପୁରସ୍କାର**
୨୦୨୧............... ଅର୍ଜୁନ
୨୦୨୨............... ପଦ୍ମଶ୍ରୀ



ବନ୍ଦନା କାଟରିଆ

## ବାପାଙ୍କ ସ୍ୱପ୍ନକୁ ସାକାରକଲେ ରେଣୁକା

# କପଡ଼ା ବଲରୁ ଅନ୍ତର୍ଜାତୀୟ କ୍ରିକେଟ

**ପିଲାଦିନେ ଗାଁରେ କପଡା ବଲରେ ଖେଳୁଥିଲି। ଏଥିଯୋଗୁ ବଲକୁ ଖୁବ୍ ଦ୍ରୁତ ଗତିରେ ଥ୍ରୋ କରିବାକୁ ପଡୁଥିଲା। ନ ହେଲେ ଏହା ବ୍ୟାଟରଙ୍କ ନିକଟରେ ପହଞ୍ଚି ପାରି ନ ଥାଏ। ଏଭଳି ଖେଳି ମୁଁ ଜଣେ ଫାଷ୍ଟ ବୋଲର ପାଲଟିଗଲି। କ୍ରିକେଟ ଖେଳିବା ମୋ ବାପାଙ୍କ ହବି ଥିଲା। ସେ ଚାହୁଁଥିଲେ, ତାଙ୍କ ପିଲାଙ୍କ ମଧ୍ୟରୁ ଜଣେ କେହି ଖେଳନ୍ତୁ। ବାପାଙ୍କର ଏହି ଇଚ୍ଛାକୁ ମୁଁ ଗୁରୁତ୍ୱର ସହ ନେଇଥିଲି...**

ଓମେନ ପ୍ରିମିୟର ଲିଗ(ଡବ୍ଲ୍ୟୁପିଏଲ୍)ର ତୃତୀୟ ସଂସ୍କରଣରେ ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ (ଆର୍‌ସିବି) ପାଇଁ ରେଣୁକା ସିଂ ଠାକୁର ଉଲ୍ଲେଖନୀୟ ପ୍ରଦର୍ଶନ କରିଛନ୍ତି। ସେ ସିଜନରେ ୭ ମ୍ୟାଚ ଖେଳି ୧୦ ଉଇକେଟ ନେଇଛନ୍ତି। ଏକଦା ଗାଁରେ କପଡା ବଲରେ ଖେଳିବା ଆରମ୍ଭ କରିଥିବା ରେଣୁକା ଏବେ ଅନ୍ତର୍ଜାତୀୟ ମହିଳା କ୍ରିକେଟରେ ଜଣେ ପରିଚିତ ଚେହେରା। ନିଜ ଦକ୍ଷତା ପ୍ରଦର୍ଶନ କରି ସେ ଏବେ ଭାରତୀୟ ଦଳର ମୁଖ୍ୟ ଫାଷ୍ଟ ବୋଲର ପାଲଟି ଯାଇଛନ୍ତି। ରେଣୁକାଙ୍କ ଲାଗି କ୍ରିକେଟ କେବଳ ଏକ ଖେଳ ନୁହେଁ। ଏହା ତାଙ୍କ ସ୍ୱର୍ଗତ ବାପାଙ୍କର ପୂରଣ ହୋଇପାରି ନ ଥିବା ସ୍ୱପ୍ନ ଥିଲା। ସେ ସାମ୍ନାରେ ଥିବା ବାଧାବିଘ୍ନକୁ ଖାତିର ନ କରି ତାଙ୍କ ବାପାଙ୍କ ସ୍ୱପ୍ନକୁ ପୂରା କରିବା ପାଇଁ ମନ ସ୍ଥିର କରିଥିଲେ। "ମୁଁ ଛୋଟ ବେଳେ ଅଧିକ କ୍ରିକେଟ ଦେଖି ନ ଥିଲି। ଏହା ମୋର ହବି ଥିଲା। ଏହା ମୋ ପାଖକୁ କେଉଁଠୁ ଆସିଲା, ତାହା ମୋତେ ଜଣା ନାହିଁ। ଆମେ ଗାଁରେ ଆମେ କପଡା ବଲରେ ଖେଳୁଥିଲୁ। ଏଥିଯୋଗୁ ବଲକୁ ଖୁବ୍ ଦ୍ରୁତ ଗତିରେ ଥ୍ରୋ କରିବାକୁ ପଡୁଥିଲା। ନହେଲେ ଏହା ବ୍ୟାଟରଙ୍କ ନିକଟରେ ପହଞ୍ଚି ପାରି ନ ଥାଏ। ଏଭଳି ଖେଳି ମୁଁ ଜଣେ ଫାଷ୍ଟ ବୋଲର ପାଲଟିଲି। ମୁଁ ମୋ ମା'ଙ୍କ ସହିତ ବାପାଙ୍କ ସମ୍ପର୍କରେ ଅଧିକ କଥା ହୁଏ ନାହିଁ। ଦିନେ ମୋ ମା' ମୋତେ କହିଥିଲେ ଯେ, କ୍ରିକେଟ ଖେଳିବା ମୋ ବାପାଙ୍କ ହବି ଥିଲା। ସେ ଚାହୁଁଥିଲେ, ତାଙ୍କର ଛୁଆଙ୍କ ମଧ୍ୟରୁ ଜଣେ କେହି ଖେଳନ୍ତୁ। ବାପାଙ୍କର ଏହି ଇଚ୍ଛାକୁ ମୁଁ ଗୁରୁତ୍ୱର ସହ ନେଇଥିଲି। ଏଣୁ ସତ କହିବାକୁ ଗଲେ ମୋ ବାପାଙ୍କଠାରୁ ମୋତେ କ୍ରିକେଟ ମିଳିଛି। ଏହା ତାଙ୍କର ସ୍ୱପ୍ନ ଥିଲା।

ରେଣୁକାଙ୍କ ଲାଗି ସଫଳତାରେ ପହଞ୍ଚିବା ଆଦୌ ସହଜ ନ ଥିଲା। ସେ କ୍ରିକେଟ ଏକାଡେମୀରେ ଯୋଗ ଦେବା ପାଇଁ ଗାଁ ଛାଡ଼ିଥିଲେ। ଧୀରେ ଧୀରେ ଆଗକୁ ବଢୁଥିବା ବେଳେ ତାଙ୍କୁ ୧୯ ବର୍ଷରୁ କମ ଦଳରୁ ବାଦ୍ ଦିଆଯାଇଥିଲା। ଏହା ତାଙ୍କୁ ବାଧିଥିଲା। ଏ ସମ୍ପର୍କରେ ରେଣୁକା କୁହନ୍ତି ଯେ, "ସେହି ସମୟରେ ଅନେକ କିଛି ଘଟୁଥିଲା। ମୁଁ ଦଳରୁ ବାଦ୍ ପଡ଼ିଥିବା ବେଳେ ମୋ ଭାଇ ଏକ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲେ। ଏଭଳି ପରିସ୍ଥିତିରୁ ମୁଁ କେଉଁ ଭଳି ବାହାରି ବି ମୋତେ ଜଣାନଥିଲା। କିନ୍ତୁ ମୋତେ ଚ୍ୟାଲେଞ୍ଜର ସମ୍ମୁଖୀନ ହେବା ପସନ୍ଦ। ୧୯ ବର୍ଷରୁ କମ୍ ଦଳରୁ ବାଦ ପଡ଼ିବା ପରେ ମୁଁ ନିଜକୁ ପଚାରିଥିଲି ଯେ, ସେମାନଙ୍କୁ କେଉଁ ଭଳି ଭୁଲ ସାବ୍ୟସ୍ତ କରିପାରିବେ। ଏଥିଯୋଗୁ ମୁଁ ଅଧିକ ପରିଶ୍ରମ କରିବା ଆରମ୍ଭ କରିଥିଲି। ଏହି ପରିଶ୍ରମର ଫଳ ମୋତେ ୨୦୨୧ ଅକ୍ଟୋବରରେ ମିଳିଥିଲା। ଅଷ୍ଟ୍ରେଲିଆ ବିପକ୍ଷରେ ଭାରତ ପାଇଁ ପଦାର୍ପଣ କରିବାକୁ ସୁଯୋଗ ମିଳିଥିଲା। ୨୦୨୩ରେ ମୋତେ ଆର୍‌ସିବି ଉଦ୍‌ଘାଟନୀ ଡବ୍ଲ୍ୟୁପିଏଲ୍ ପାଇଁ ସାଇନ କରିଥିଲା। ଯଦିଓ ପ୍ରଥମ ସିଜନରେ ମୋତେ ମାତ୍ର ଗୋଟିଏ ଉଇକେଟ ମିଳିଥିଲା, କିନ୍ତୁ ଶିଖିବା କଦାପି ଛାଡ଼ି ନ ଥିଲି। ଚାପକୁ କେଉଁ ଭଳି ନିୟନ୍ତ୍ରଣ କରାଯାଏ, ତାହା ମୁଁ ବିଶ୍ୱର ଶ୍ରେଷ୍ଠ ବୋଲର ଯଶପ୍ରୀତ ବୁମରାଙ୍କଠାରୁ ଶିକ୍ଷା କରିଥିଲି ବୋଲି ରେଣୁକା ପ୍ରକାଶ କରିଛନ୍ତି। ଡବ୍ଲ୍ୟୁପିଏଲ୍ ପରେ ମୁଁ ବୁମ୍‌ରାଙ୍କ ସହ ଅନେକ ଥର କଥା ହୋଇଥିଲି। ଚାପର କେଉଁ ଭଳି ସମ୍ମୁଖୀନ ହେବା ଦରକାର ବୋଲି ତାଙ୍କୁ ମୁଁ ପ୍ରଶ୍ନ କରିଥିଲି। ସେ ଉତ୍ତରରେ କହିଥିଲେ ଯେ, ତୁମେ ଯେତେ ଅଧିକ ମ୍ୟାଚ ଖେଳିବ, ସେତେ ଅଧିକ ଚାପ ସହିତ ଅଭ୍ୟସ୍ତ ହୋଇଯିବ।

ଚଳିତ ସିଜନରେ ଯଦିଓ ତାଙ୍କ ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ ଦଳ ଆଶାନୁଯାୟୀ ପ୍ରଦର୍ଶନ କରିପାରି ନ ଥିଲା, କିନ୍ତୁ ତାଙ୍କ ପ୍ରଦର୍ଶନ ଉଚ୍ଚକୋଟୀର ରହିଥିଲା। ସେ ସିଜନର ବିଭିନ୍ନ ପର୍ଯ୍ୟାୟରେ ପର୍ପଲ କ୍ୟାପର ଅଧିକାରୀ ହୋଇଥିଲେ। ଆର୍‌ସିବି ପାଇଁ ଖେଳିବାର ଅଭିଜ୍ଞତା ସମ୍ପର୍କରେ ସେ ପ୍ରକାଶ କରିଛନ୍ତି ଯେ, ଆର୍‌ସିବି ପାଇଁ ଖେଳୁଥିବାରୁ ମୁଁ ନିଜକୁ ଭାଗ୍ୟବାନ ମନେକରୁଛି। କାରଣ ଆର୍‌ସିବି ଫ୍ୟାନ୍ସ ଖୁବ୍ ଭଲ। ଆମେ ଯେତେବେଳେ ଷ୍ଟାଡିୟମ ଯାଉ, ପୂରା ଷ୍ଟାଡିୟମ ଆର୍‌ସିବି...ଆର୍‌ସିବି... ସ୍ୱରରେ ପ୍ରକମ୍ପିତ ହୋଇଉଠେ। ଉପସ୍ଥିତ ଦର୍ଶକ ଯେଉଁଭଳି ଆମ ନାମ ନିଅନ୍ତି, ମୋତେ ତାହା ଖୁବ ପସନ୍ଦ। ଏହା ଆମକୁ ଉତ୍ସାହିତ କରେ। କିନ୍ତୁ ମୋଟାମୋଟି ଭାବେ ଗତ କିଛି ବର୍ଷରେ ମହିଳା କ୍ରିକେଟ ଖୁବ୍ ଆଗକୁ ବଢ଼ିଛି। ବର୍ତ୍ତମାନ ସୁଦ୍ଧା ଅନେକ ସୁବିଧା ମିଳୁଛି, ଟଙ୍କା ମଧ ବୃଦ୍ଧି ପାଇଛି। ଏଣୁ ଅନେକ ଲୋକ ଏହାକୁ ଏବେ ଏକ କ୍ୟାରିୟର ଭାବେ ଦେଖିପାରନ୍ତି। ମୁଁ ଯେତେବେଳେ ଘରକୁ ଯାଏ, ଛୋଟ ଛୁଆମାନେ ଗାଁରେ ଖେଳୁଥାଆନ୍ତି। ସେମାନେ ମୋ ପାଖକୁ ଆସି, ଦିଦି.. ଦିଦି ମୁଁ ତୁମ ଭଳି ହେବାକୁ ଚାହେଁ ବୋଲି କୁହନ୍ତି, ତାହା ମୋତେ ଖୁବ୍ ଆନନ୍ଦ ଦିଏ।

୧୯୯୬ ମସିହା ଜାନୁଆରୀ ୨ ତାରିଖରେ ହିମାଚଳ ପ୍ରଦେଶର ଶିମ୍‌ଲାରେ ରେଣୁକାଙ୍କ ଜନ୍ମ। ସେ ୨୦୧୯–୨୦ ସିଜନରେ ସିନିୟର ମହିଳା ଦିନିକିଆ ଲିଗ୍‌ରେ ସର୍ବାଧିକ ୩୩ ଉଇକେଟ ନେଇଥିଲେ। ଏଥିଯୋଗୁ ୨୦୨୧ ଅଗଷ୍ଟରେ ତାଙ୍କୁ ଭାରତୀୟ ମହିଳା ଦଳରୁ ପ୍ରଥମ ଥର ଡାକରା ଆସିଥିଲା। ସେହି ବର୍ଷ ଅକ୍ଟୋବର ୭ ତାରିଖରେ ଅଷ୍ଟ୍ରେଲିଆ ବିପକ୍ଷରେ ଅନ୍ତର୍ଜାତୀୟ ମହିଳା ଟି୨୦ କ୍ରିକେଟରେ ପଦାର୍ପଣ କରିଥିଲେ। ୨୦୨୨ ଜାନୁଆରୀରେ ତାଙ୍କୁ ଭାରତୀୟ ମହିଳା କ୍ରିକେଟ ବିଶ୍ୱକପ୍ ଦଳରେ ସାମିଲ କରାଯାଇଥିଲା। ସେ ଫେବୃଆରୀ ୧୮ରେ ନ୍ୟୁଜିଲାଣ୍ଡ ବିପକ୍ଷରେ ଅନ୍ତର୍ଜାତୀୟ ମହିଳା ଦିନିକିଆ କ୍ରିକେଟରେ ପଦାର୍ପଣ ମ୍ୟାଚ ଖେଳିଥିଲେ। ସେହି ବର୍ଷ ଜୁଲାଇରେ ତାଙ୍କୁ ରାଜ୍ୟଗୋଷ୍ଠୀ କ୍ରୀଡ଼ା ଲାଗି ଭାରତୀୟ ଦଳରେ ସ୍ଥାନ ମିଳିଥିଲା। ଏଥିରେ ଭାରତ ରୌପ୍ୟ ପଦକ ଜିତିଥିଲା। ୨୦୨୩ ମହିଳା ଟି୨୦ ବିଶ୍ୱକପ୍‌ରେ ଇଂଲଣ୍ଡ ବିପକ୍ଷ ମ୍ୟାଚରେ କ୍ୟାରିୟରରେ ପ୍ରଥମ ଥର ପାଇଁ ୫ ଉଇକେଟ ସଫଳତା ହାସଲ କରିଥିଲେ। ଠାକୁର ୨୦୨୩ ଡିସେମ୍ବରରେ ଇଂଲଣ୍ଡ ବିପକ୍ଷରେ ଟେଷ୍ଟ ପଦାର୍ପଣ କରିଥିଲେ। ୨୦୨୪ ଡିସେମ୍ବରରେ ୱେଷ୍ଟଇଣ୍ଡିଜ ବିପକ୍ଷରେ ଦିନିକିଆ କ୍ରିକେଟରେ କ୍ୟାରିୟରର ପ୍ରଥମ ୫ ଉଇକେଟ ସଫଳତା ପାଇଥିଲେ। ସେ ଏପର୍ଯ୍ୟନ୍ତ ଭାରତ ପାଇଁ ୩ ଟେଷ୍ଟ, ୧୯ ଦିନିକିଆ ଓ ୫୪ ଟି୨୦ ମ୍ୟାଚ ଖେଳିଛନ୍ତି। ଏଥିରୁ ସେ ୯୫ ଉଇକେଟ ନେଇଛନ୍ତି।



### ରେଣୁକାଙ୍କ କ୍ୟାରିୟର

| ଫର୍ମାଟ | ମ୍ୟାଚ | ଉଇକେଟ | ଶ୍ରେଷ୍ଠ ପ୍ରଦର୍ଶନ |
|---|---|---|---|
| ଟେଷ୍ଟ | ୩ | ୨ | ୧/୩୦ |
| ଦିନିକିଆ | ୧୯ | ୩୫ | ୫/୨୯ |
| ଟି୨୦ | ୫୪ | ୫୮ | ୫/୧୫ |

### ଫିଟ୍/ଅନ୍‌ଫିଟ

ଜାତୀୟ ମାଉଣ୍ଟେନ
ବାଇକ୍ ଚାମ୍ପିୟନଶିପ୍
ମୋ ଓଡ଼ିଶା ଭାଗନେବ
ହରିୟାଣାରେ ଏକୋଇଶତମ
ଏ କଣ୍ଟେଷ୍ଟ
ମୋର୍ନି ହିଲ୍ସରେ ହେବ
ତାପମାତ୍ରା ହାଇ ଥିବ
ହିଲ୍ ସାଇଡ୍ ରୋଡ୍ ପରିବେଶ କେତେ
ହାର୍ଡ ୱର୍କ ଥରେ ଭାବ।

ଅଠରତମ ଜାତୀୟ ଦୃଷ୍ଟି ବାଧିତ ଚେସ୍
ଚାମ୍ପିୟନଶିପ୍ ଶେଷ
ଟାଇ–ବ୍ରେକ୍ ସ୍କୋରରେ ଦର୍ପନ
ଇନାନୀ
ଚାମ୍ପିୟନ ମୋଡ଼େ ନିଶ
ଇଏ ଗୁଜରାଟ ଯଶ
ଇମ୍ପଶିବଲକୁ ପଶିବୁଲ କରେ
ଆଜିର ଦିବ୍ୟାଙ୍ଗ କୁଶ।




ଜାପାନିଜ୍ ଫର୍ମୁଲାୱାନ ଗ୍ରାଁ ପ୍ରି
ମୋଟର ରେସ୍‌କୁ ଜିତି
ସେବାଷ୍ଟିଆନ ରେକର୍ଡ
ସଙ୍ଗେ ଇକ୍ୟୁଆଲ
ଭର୍ଷ୍ଟାପେନ୍ ଏଠି ମାତି
ୱାକିଂ ସାଇକ୍ଲିଂ ନିତି
କରୁଥିବା ଲୋକ ଫିଟ୍, ଅନ୍‌ଫିଟ
ପେଟ୍ରୋଲ ପୋଡ଼ିଲେ ନାତି।

–ସୁବାସ ଚନ୍ଦ୍ର ପ୍ରଧାନ

# ୪୯ ଲକ୍ଷର ନକଲି ନୋଟ୍ ଜବତ, ୨ ଗିରଫ

**ଟିଟିଲାଗଡ଼ରେ ଏସ୍‌ଟିଏଫ୍ ଚଢ଼ାଉ**


ଗିରଫ ଦୁଇ ଅଭିଯୁକ୍ତ

ଟିଟିଲାଗଡ଼,(ଶରତ ମିଶ୍ର)/ ଭୁବନେଶ୍ୱର,୧୦।୪ (ସତ୍ୟଜିତ୍ ରାଉତ)

ପଶ୍ଚିମ ଓଡ଼ିଶା ନକଲି ନୋଟ୍ କାରବାରର ପେଣ୍ଠସ୍ଥଳ ପାଲଟିଛି। କ୍ରାଇମବ୍ରାଞ୍ଚର ସ୍ପେଶାଲ ଟାସ୍କ ଫୋର୍ସ (ଏସ୍‌ଟିଏଫ୍) ବାରମ୍ବାର ନକଲି ନୋଟ୍ ଜବତ କରିବା ସହ ସମ୍ପୃକ୍ତ ଚାଲାଣକାରୀଙ୍କୁ ଧରୁଥିଲେ ମଧ୍ୟ ଏହି ବେଆଇନ କାରବାର ବନ୍ଦ ହେବା ପରିବର୍ତ୍ତେ ବଢ଼ି ଚାଲିଛି। ଏବେ ବଲାଙ୍ଗୀର ଜିଲା ଟିଟିଲାଗଡ଼ରେ ଆଉ ଏକ ନକଲି ନୋଟ୍ ର୍‍ୟାକେଟକୁ ଧରିଛି କ୍ରାଇମବ୍ରାଞ୍ଚ ଏସ୍‌ଟିଏଫ୍। ସ୍ଥାନୀୟ ପୋଲିସ ସହାୟତାରେ ଏସ୍‌ଟିଏଫ୍ ଟିମ୍ ଚଢ଼ାଉ କରି ୪୯ ଲକ୍ଷ ଟଙ୍କାର ନକଲି ନୋଟ୍ ଜବତ କରିବା ସହ ସମ୍ପୃକ୍ତ ୨ଜଣଙ୍କୁ ଗିରଫ କରିଛି। ସେମାନେ ହେଲେ ଟିଟିଲାଗଡ଼ ସହର ରଘୁନାଥପଡା ଅଞ୍ଚଳର ମହମ୍ମଦ ସବିର (୪୫) ଓ ସିକିର ଅଞ୍ଚଳର ନେତ୍ର ରାଉତ। ମିଳିତ ଟିମ୍ ସେମାନଙ୍କଠାରୁ ନକଲି ନୋଟ୍ ବ୍ୟତୀତ ଅନ୍ୟ ଅପରାଧ ସମ୍ବନ୍ଧୀୟ ସାମଗ୍ରୀ ଜବତ କରିଛି। ତେବେ ଗିରଫ ପରେ ଅଭିଯୁକ୍ତଦ୍ୱୟଙ୍କୁ ଏସ୍‌ଟିଏଫ୍ ଟିମ୍ ଟିଟିଲାଗଡ ଥାନାକୁ ହସ୍ତାନ୍ତର କରିଥିଲା। ଏହି ଘଟଣାରେ ଟିଟିଲାଗଡ ଥାନା ପୋଲିସ ଏକ ମାମଲା (ନଂ.୧୨୭/୨୦୨୫) ରୁଜୁ କରିବା ସହ ସବିର ଓ ନେତ୍ରଙ୍କୁ ଗୁରୁବାର କୋର୍ଟଚାଲାଣ କରିଥିଲା। ଜାମିନ ନାମଞ୍ଜୁର ପରେ ସେମାନଙ୍କୁ ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଛି। ଏହି ଘଟଣାକୁ ନେଇ ଟିଟିଲାଗଡ଼ ଥାନାରେ ପୋଲିସ ପକ୍ଷରୁ ଗୁରୁବାର ଖବରଦାତା ସମ୍ମିଳନୀ କରାଯାଇଥିଲା। ଟିଟିଲାଗଡ଼ ଏସ୍‌ଡିପିଓ ଯଶୋବନ୍ତ ପ୍ରଧାନୀ ଓ ଆଇଆଇସି କଲ୍ୟାଣୀ ବେହେରାଙ୍କ ସୂଚନା ଅନୁଯାୟୀ, ନକଲି ନୋଟ୍ କାରବାର ନେଇ ସୂଚନା ମିଳିବା ପରେ ବୁଧବାର ସନ୍ଧ୍ୟାରେ ବଲାଙ୍ଗୀର-ଟିଟିଲାଗଡ ରୋଡ୍ ସିକିର ଗ୍ରାମ ନିକଟରେ ମିଳିତ ଟିମ୍ ଛକି ରହି ଅଭିଯୁକ୍ତଦ୍ୱୟଙ୍କୁ କାବୁ କରିଥିଲା। ସେମାନେ ଦୀର୍ଘଦିନ ହେବ ନକଲି ନୋଟ କାରବାର କରୁଥିଲେ। ସେମାନଙ୍କୁ ରିମାଣ୍ଡରେ ଅଣାଯାଇ ଅଧିକ ତଦନ୍ତ କରାଯିବ। ଏହି ନକଲି ନୋଟ୍ କେଉଁଠି ଛପା ଯାଉଥିଲା, ର୍‍ୟାକେଟର ମାଷ୍ଟରମାଇଣ୍ଡ କିଏ; ତାହା ଜାଣିବାକୁ ଛାନ୍‌ଭିନ୍ ଚାଲିଥିବା ପୋଲିସ ପକ୍ଷରୁ ସୂଚନା ଦିଆଯାଇଛି।

# ଭିନ୍ନ ଜାତିର ପୁଅ ସହ ଚାଲିଯିବାରୁ ଝିଅଙ୍କୁ ହତ୍ୟାକଲେ ବାପା

**ମାମୁଙ୍କ ଅଭିଯୋଗ ଆଧାରରେ ଅଭିଯୁକ୍ତ ବାପା ଗିରଫ**

ପାଟନା, ୧୦।୪

ଅନ୍ୟ ଜାତିର ଜଣେ ଯୁବକଙ୍କ ସହ ଝିଅ ଘରୁ ପଳାଇଯିବାରୁ କ୍ରୋଧରେ ଜର୍ଜରିତ ଜଣେ ବାପା ନିଜ ଝିଅଙ୍କୁ ହତ୍ୟା କରିବାକୁ ପଛାଇ ନାହାନ୍ତି। ଏପରି କି ଏହି ହତ୍ୟା ସମ୍ପର୍କରେ ଅନ୍ୟ କାହାରିକୁ ନ ଜଣାଇ ମୃତଦେହକୁ ଗାଧୁଆ ଘରେ ଲୁଚାଇ ରଖିଥିଲେ। ଏଭଳି ଏକ ଘଟଣା ବିହାର ସମସ୍ତିପୁର ଜିଲାରେ ଘଟିଥିବାବେଳେ ଅଭିଯୁକ୍ତ ବାପା ମୁକେଶ ସିଂଙ୍କୁ ପୋଲିସ ଗିରଫ କରି କୋର୍ଟ ଚାଲାଣ କରିଛି। ଅପରପକ୍ଷରେ ଝିଅ ସାକ୍ଷୀଙ୍କ ମୃତଦେହ ବ୍ୟବଚ୍ଛେଦ କରି ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଛି।

ପୋଲିସ ସୂଚନାନୁଯାୟୀ, ସାକ୍ଷୀଙ୍କ ବାପା ମୁକେଶ ଜଣେ ଅବସରପ୍ରାପ୍ତ ସେନା କର୍ମଚାରୀ। ସାକ୍ଷୀ ଏବଂ ତାଙ୍କର ଜଣେ ପୁରୁଷବନ୍ଧୁ ସାଙ୍ଗ ହୋଇ କଲେଜ ଯିବାଆସିବା କରନ୍ତି। ପରବର୍ତ୍ତୀ ସମୟରେ ଉଭୟଙ୍କ ମଧ୍ୟରେ ପ୍ରେମ ସମ୍ପର୍କ ଗଢ଼ି ଉଠିଥିଲା। ହେଲେ ଯୁବକ ଜଣକ ଭିନ୍ନ ଜାତିର ହୋଇଥିବାରୁ ଏହି ସମ୍ପର୍କକୁ ଝିଅର ପରିବାର ଗ୍ରହଣ କରିପାରି ନ ଥିଲେ। ଗତ ମାର୍ଚ୍ଚ ୪ରେ ସାକ୍ଷୀ ନିଜର ପୁରୁଷବନ୍ଧୁଙ୍କ ସହ ଘରଛାଡ଼ି ଦିଲ୍ଲୀ ପଳାଇଯାଇଥିଲେ। ସେଠାରେ ଜଣେ ସମ୍ପର୍କୀୟଙ୍କ ଘରେ ରହିଥିଲେ। ଘରୁ ଝିଅ କୁଆଡ଼େ ଚାଲିଯାଇଥିବା ନେଇ ମୁକେଶ ମୋଇଉଦ୍ଦିନ ନଗର ଥାନାରେ ଏକ ନିଖୋଜ ରିପୋର୍ଟ କରିଥିଲେ। ସପ୍ତାହେ ତଳେ ପୁରୁଷ ବନ୍ଧୁଙ୍କ ସମ୍ପର୍କୀୟମାନେ ଉଭୟଙ୍କୁ ବୁଝାଶୁଝା କରିବା ସହ ସାକ୍ଷୀଙ୍କୁ ତାଙ୍କ ଘର ଲୋକଙ୍କୁ ଫେରାଇ ଦେଇଥିଲେ। ତେବେ କିଛିଦିନ ପରେ ସାକ୍ଷୀଙ୍କୁ ଆଉ ଦେଖିବାକୁ ମିଳି ନ ଥିଲା। ଏନେଇ ମୁକେଶଙ୍କୁ ତାଙ୍କ ସ୍ତ୍ରୀ ପଚାରିଥିଲେ ସୁଦ୍ଧା ସେ କୌଣସି ଉତ୍ତର ଦେଇ ନ ଥିଲେ। ପରେ ସାକ୍ଷୀଙ୍କ ମା' ନିଜ ଭାଇ ବିପିନ କୁମାରଙ୍କୁ ଏନେଇ ଜଣାଇଥିଲେ। ବିପିନ ଭାଣିଜୀଙ୍କ ସମ୍ପର୍କରେ ମୁକେଶଙ୍କୁ ପଚାରିବାରୁ ସାକ୍ଷୀ ପୁଣି ଥରେ ଘର ଛାଡ଼ି ଚାଲିଯାଇଥିବା କହିଥିଲେ। ତେବେ ମୁକେଶଙ୍କ ଏହି କଥାରେ ସନ୍ଦେହ ହେବାରୁ ବିପିନ ପୋଲିସକୁ ଖବର ଦେଇଥିଲେ। ଏହାପରେ ପୋଲିସ ମୁକେଶଙ୍କ ଘରକୁ ଆସି ତଦନ୍ତ ଆରମ୍ଭ କରିଥିଲା। ମୁକେଶଙ୍କ ଘରର ବନ୍ଦ ପଡ଼ିଥିବା ଏକ ଗାଧୁଆଘର ମଧ୍ୟରୁ ଦୁର୍ଗନ୍ଧ ଆସିବାରୁ ପୋଲିସ ଉକ୍ତ ଗାଧୁଆ ଘର ଖୋଲିଥିଲା ଓ ସେଠାରୁ ସାକ୍ଷୀଙ୍କ ମୃତଦେହ ଜବତ କରିଥିଲା। ପରେ ପୋଲିସ ମୁକେଶଙ୍କୁ ଗିରଫ କରିଥିଲା। ଝିଅ ସାକ୍ଷୀଙ୍କୁ ହତ୍ୟା କରିଥିବା ନେଇ ମୁକେଶ ପୋଲିସ ସମ୍ମୁଖରେ ସ୍ୱୀକାର କରିଛନ୍ତି।

# ସ୍ୱାମୀହନ୍ତା ସ୍ତ୍ରୀଙ୍କୁ ଆଜୀବନ କାରାଦଣ୍ଡ

ବଲାଙ୍ଗୀର,୧୦।୪ (ବୀରେନ୍ଦ୍ର କୁମାର ଝାଙ୍କର)

ବଲାଙ୍ଗୀର ଜିଲା ଦୌରାଜଜ୍‌ଙ୍କ କୋର୍ଟରେ ଗୁରୁବାର ଏକ ହତ୍ୟା ମାମଲାର ରାୟ ପ୍ରକାଶ ପାଇଛି। ଜିଲା ଦୌରାଜଜ୍ ଡ. ପବିତ୍ର ମୋହନ ସାମଲ ଏହାର ବିଚାରକରି ସ୍ୱାମୀହନ୍ତା ସ୍ତ୍ରୀଙ୍କୁ ଦୋଷୀ ସାବ୍ୟସ୍ତ କରିବା ସହ ଆଜୀବନ କାରାଦଣ୍ଡରେ ଦଣ୍ଡିତ କରିଛନ୍ତି। ଏଥିସହ ୧୦ ହଜାର ଟଙ୍କା ଜରିମାନା ଓ ଜରିମାନା ଅନାଦାୟେ ଅଧିକ ୧ ବର୍ଷ କାରାଦଣ୍ଡ ଭୋଗିବାକୁ ରାୟରେ ଉଲ୍ଲେଖ କରିଛନ୍ତି।

ମିଳିଥିବା ସୂଚନା ମୁତାବକ, ୨୦୨୨ ଅକ୍ଟୋବର ୨୨ରେ ବଲାଙ୍ଗୀର ଜିଲା ତୁଷରା ଥାନା ମହୀପୁର ଗ୍ରାମର ରଜନୀକାନ୍ତ ଭୋଇ ତୁଷରା ଥାନାରେ ତାଙ୍କ ପୁଅ ଦିବ୍ୟସିଂହ ଭୋଇଙ୍କୁ ହତ୍ୟା କରାଯାଇଥିବା ଅଭିଯୋଗ କରିଥିଲେ। ଦିବ୍ୟସିଂହଙ୍କ ସ୍ତ୍ରୀ ଯଶୋଦା ଭୋଇ (୩୦) ଏହି ହତ୍ୟାରେ ସମ୍ପୃକ୍ତ ଥିବା ଅଭିଯୋଗରେ ସେ ଦର୍ଶାଇଥିଲେ। ଏ ସଂକ୍ରାନ୍ତରେ ଥାନାରେ ସେତେବେଳେ ଏକ ମାମଲା (ନଂ.୧୬୨/୨୨) ରୁଜୁ ହୋଇଥିଲା। ତତ୍କାଳୀନ ପୋଲିସ ଅଧିକାରୀ ସଞ୍ଜୀବ ପ୍ରଧାନ ଘଟଣାର ତଦନ୍ତ କରିଥିଲେ। ଏହି ମାମଲାରେ ଅଭିଯୁକ୍ତ ଯଶୋଦାଙ୍କୁ ପୋଲିସ ଗିରଫକରି କୋର୍ଟ ଚାଲାଣ କରିଥିଲା। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଦୀର୍ଘଦିନ ଧରି ବିବାଦ ଲାଗି ରହିଥିଲା। ଶେଷରେ ୨୦୨୨ ଅକ୍ଟୋବର ୨୧ ବିଳମ୍ବିତ ରାତିରେ ଦିବ୍ୟସିଂହଙ୍କୁ ଶୋଇଥିବା ଅବସ୍ଥାରେ ଯଶୋଦା ଏକ ଟାଙ୍ଗିଆ ସାହାଯ୍ୟରେ ହତ୍ୟାକରିଥିବା ତଦନ୍ତ ବେଳେ ଜଣାପଡ଼ିଥିଲା। ଏହି ମାମଲାର ବିଚାରକରି ଜିଲା ଦୌରାଜଜ୍ ଡ. ସାମଲ ଉପରୋକ୍ତ ଦଣ୍ଡାଦେଶ ଶୁଣାଇଛନ୍ତି। ଉକ୍ତ ମାମଲାକୁ ସରକାରୀ ଓକିଲ ସୁବାସ ଚନ୍ଦ୍ର ମାହାନ୍ତ ପରିଚାଳନା କରିଥିଲେ।

# ରାଉରକେଲାରେ ଡବଲ ମର୍ଡର, ଜଣେ ଗିରଫ

- ■ ଶୋଇଥିବାବେଳେ ଯୁବକଙ୍କ ତଣ୍ଟିକାଟି ହତ୍ୟା
- ■ ପୂର୍ବଶତ୍ରୁତାରୁ ବିଟ୍ ବଜାରରେ ଗୋଡ଼ାଇ ହାଣିଲେ

ରାଉରକେଲା,୧୦।୪ (ସଙ୍ଗୀତା ଜେନା)

ରାଉରକେଲା ସହରରେ ବୁଧବାର ରାତିରେ ୨ଟି ହତ୍ୟାକାଣ୍ଡ ଘଟିଛି। ପ୍ଲାଣ୍ଟସାଇଟ୍ ଥାନା ଗାନ୍ଧୀରୋଡ୍‌ରେ ଶୋଇଥିବା ଅବସ୍ଥାରେ ଏକ ଧାରୁଆ ଛୁରିରେ ଜଣେ ଯୁବକଙ୍କ ତଣ୍ଟିକାଟି ହତ୍ୟା କରାଯାଇଛି। ମୃତକ ହେଲେ ମଧୁସୂଦନପାଲୀ ଅଞ୍ଚଳର ସୁଦୀପ କର(୩୭) ଓରଫ ବଙ୍ଗାଳୀ। ଏହି ମାମଲାରେ ପୋଲିସ ଗୁରୁବାର ବିହାର ରାଜ୍ୟ ଗୟାର ମୂଳନିବାସୀ ତଥା ରାଉରକେଲା ନୂଆ ବସ୍‌ଷ୍ଟାଣ୍ଡ ଅଞ୍ଚଳରେ ରହୁଥିବା ସଞ୍ଜୟ ରବିଦାସ(୪୪)ଙ୍କୁ ଗିରଫ କରିଛି। ତାଙ୍କଠାରୁ ହତ୍ୟାରେ ବ୍ୟବହୃତ ଧାରୁଆ ଛୁରି ଜବତ ହୋଇଛି। ଏ ନେଇ ପୋଲିସ ଏକ ମାମଲା (ନଂ.୨୫୨/୨୫) ରୁଜୁ କରି ଅପରାହ୍ନ ୫ଟାରେ ଅଭିଯୁକ୍ତଙ୍କୁ କୋର୍ଟଚାଲାଣ କରିଛି। ପୋଲିସ ସୂଚନା ଅନୁଯାୟୀ, ସଞ୍ଜୟ ଏବଂ ବଙ୍ଗାଳୀ ଜରି ଓ ବର୍ଜ୍ୟବସ୍ତୁ ସଂଗ୍ରହ କରି ଚଳୁଥିଲେ। ଉଭୟ ବୁଧବାର ରାତି ପ୍ରାୟ ୧୦ଟା ସମୟରେ ଗାନ୍ଧୀ ରୋଡ୍ ପାର୍ଶ୍ୱରେ ଶୋଇଥିଲେ। ଏହାପୂର୍ବରୁ ସଞ୍ଜୟ ମଦ ପିଇବା ପାଇଁ ବଙ୍ଗାଳୀଙ୍କୁ ଟଙ୍କା ମାଗିଥିଲେ। ଏଥିରେ ବଙ୍ଗାଳୀ ରାଜି ନ ହୋଇ ଶୋଇପଡ଼ିଥିଲେ। ସଞ୍ଜୟ ଉତ୍ତ୍ୟକ୍ତ ହୋଇ ଏକ ଧାରୁଆ ଛୁରିରେ ବଙ୍ଗାଳୀଙ୍କ ତଣ୍ଟି କାଟି ଦେଇଥିଲେ। ସ୍ଥାନୀୟ ଲୋକେ ସଞ୍ଜୟଙ୍କୁ କାବୁ କରି ପୋଲିସକୁ ହସ୍ତାନ୍ତର କରିଥିଲେ। ସେହିପରି ବୁଧବାର ରାତିରେ ଛେଣ୍ଡ ଥାନା ଅଞ୍ଚଳରେ ଚାଲିଥିବା ଆଖଡା ଶୋଭାଯାତ୍ରାରେ ଅଂଶଗ୍ରହଣ କରିବାକୁ ଆସିଥିବାବେଳେ ପୂର୍ବ ଶତ୍ରୁତାକୁ କେନ୍ଦ୍ର କରି ଦୁର୍ବୃତ୍ତମାନେ ଜଣେ ଯୁବକଙ୍କୁ ବିଟ୍ ବଜାରରେ ଗୋଡାଇ ଗୋଡାଇ ହାଣି ଦେଇଥିଲେ। ଗୁରୁତର ଅବସ୍ଥାରେ ତାଙ୍କୁ ଆର୍‌ଜିଏଚ୍‌ରେ ଭର୍ତ୍ତି କରାଯାଇଥିଲା। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଛି। ମୃତକ ହେଲେ ଛେଣ୍ଡ କଳିଙ୍ଗ ବିହାର କୋ-ଅପରେଟିଭ୍ କଲୋନିର ମୁକେଶ କର(୨୧)। ମୃତକଙ୍କ ସମ୍ପର୍କୀୟ ବିଶ୍ୱରଞ୍ଜନ କର ରାତି ପ୍ରାୟ ୩ଟାରେ ଏତଲା ଦେଇଥିଲେ। ପୋଲିସ ଏକ ମାମଲା (ନଂ.୯୭/୨୫) ରୁଜୁ କରି ହତ୍ୟାକାଣ୍ଡରେ ସମ୍ପୃକ୍ତି ସନ୍ଦେହରେ ୪/୫ ଜଣଙ୍କୁ ଅଟକ ରଖି ପଚରାଉଚୁରା କରୁଛି। ସିସିଟିଭି ଓ ସାଇଣ୍ଟିଫିକ୍ ଟିମ୍ ଏହାର ଅନୁସନ୍ଧାନ କରୁଛନ୍ତି। ଅପରପକ୍ଷେ ଗୁରୁବାର ସକାଳେ ମୃତକଙ୍କ ପିତା ସୁଧୀର କର ଛେଣ୍ଡ ଥାନାରେ ପହଞ୍ଚି ହତ୍ୟାକାରୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି କହିଛନ୍ତି। ଅପରାହ୍ନ ୪ଟାରେ ମୃତଦେହ ବ୍ୟବଚ୍ଛେଦ ପରେ ପରିବାରବର୍ଗଙ୍କୁ ହସ୍ତାନ୍ତର କରାଯାଇଛି।

# ଆମ୍ବତୋଟାରୁ ନରକଙ୍କାଳ ଉଦ୍ଧାର

ଜମନକିରା,୧୦।୪(ରବୀନ୍ଦ୍ର ପ୍ରସାଦ ଦାନୀ)


ଘଟଣାସ୍ଥଳରେ ଉପସ୍ଥିତ ପୋଲିସ ଅଧିକାରୀ, ସାଇଣ୍ଟିଫିକ୍ ଦଳ ଓ ମାଜିଷ୍ଟ୍ରେଟ।

ସମ୍ବଲପୁର ଜିଲା ଜମନକିରା ଥାନା ଲଦୋପଡ଼ାର ଏକ ଆମ୍ବତୋଟାରୁ ଗୁରୁବାର ପୋଲିସ ନରକଙ୍କାଳ ଜବତ କରିଛି। କୁଚିଣ୍ଡା ଏସ୍‌ଡିପିଓ ପ୍ରଦୀପ କୁମାର ଦାଶ, ଜମନକିରା ଥାନା ଆଇଆଇସି ପଦ୍ମାଳୟା ସାହୁ, କୁଚିଣ୍ଡା ଆଇଆଇସି ବାମଦେବ ଶଙ୍ଖୁଆଳ ସମ୍ବଲପୁରରୁ ସାଇଣ୍ଟିଫିକ ଟିମ୍ ସହ ଘଟଣାସ୍ଥଳରେ ପହଞ୍ଚି ତନାଘନା କରିଥିଲେ। ମାଜିଷ୍ଟ୍ରେଟ ଦାୟିତ୍ୱରେ ଜମନକିରା ତହସିଲଦାର ପ୍ରଭିନା ବିଲୁଙ୍ଗ ଉପସ୍ଥିତ ଥିଲେ। ପରେ ବୁର୍ଲା ଏଫଏମଟିକୁ କଙ୍କାଳ ନମୁନା ପରୀକ୍ଷା ପାଇଁ ପଠାଯାଇଛି। ପୋଲିସ ସୂଚନା ଅନୁଯାୟୀ, ଲଦୋପଡ଼ାର କେତେକ ଲୋକେ ସକାଳ ପ୍ରାୟ ସାଢ଼େ ୮ଟାରେ ଗାଁ ନିକଟ ଏକ ଆମ୍ବତୋଟା ନିକଟରେ ଦୁଇଟି ମଣିଷ ଗୋଡ଼ର କଙ୍କାଳ ପଡ଼ିଥିବା ଦେଖିଥିଲେ। ପରେ ସେମାନଙ୍କଠାରୁ ଖବର ପାଇ ଜମନକିରା ଥାନା ପୋଲିସ ଘଟଣାସ୍ଥଳରେ ପହଞ୍ଚିଥିଲା। ହାଡ ପଡ଼ିଥିବା ସ୍ଥାନରେ ମାଟି ଖୋଳିବା ପରେ ଭିତରୁ ନରକଙ୍କାଳ ମିଳିଥିଲା। ପୋଲିସ ନିଜ ଆଡୁ ଜମନକିରା ଥାନାରେ ଏକ ମାମଲା ରୁଜୁ କରି ତଦନ୍ତ ଜାରି ରହିଛି ବୋଲି ଥାନା ଅଧିକାରୀ ସାହୁ କହିଛନ୍ତି।

# ଅଭିଯୁକ୍ତଙ୍କୁ ୨୦ବର୍ଷ ଜେଲଦଣ୍ଡ

**ଶିଶୁକନ୍ୟା ବଳାତ୍କାର ମାମଲା**

ସମ୍ବଲପୁର,୧୦।୪(ପ୍ରମୋଦ ବହିଦାର)

ସମ୍ବଲପୁର ଜିଲା ଶାସନ ଥାନା ଅଞ୍ଚଳରେ ୨୦୨୩ ମସିହାରେ ଘଟିଥିବା ଶିଶୁକନ୍ୟା ବଳାତ୍କାର ମାମଲାର ରାୟ ଗୁରୁବାର ପ୍ରକାଶ ପାଇଛି। ସମ୍ବଲପୁର ପୋକ୍‌ସୋ ଅଦାଲତ ସ୍ୱତନ୍ତ୍ର ବିଚାରପତି ଅଭିଳାଷ ସେନାପତି ଏହି ମାମଲାରେ ଅଭିଯୁକ୍ତ ଭୋଇମୁଣ୍ଡା ଖଡ଼ିଆପଡ଼ାର ଆକାଶ ଖଡ଼ିଆଙ୍କୁ ଦଫା ୬ ପୋକ୍‌ସୋ ଆଇନରେ ୨୦ ବର୍ଷ ସଶ୍ରମ କାରାଦଣ୍ଡରେ ଦଣ୍ଡିତ କରିଛନ୍ତି। ଏଥିସହ ୫୦ ହଜାର ଜରିମାନା ଓ ଜରିମାନା ଅନାଦାୟ ଅଧିକ ଏକ ବର୍ଷ ସଶ୍ରମ କାରାଦଣ୍ଡ ଭୋଗିବାକୁ ପଡିବ ବୋଲି ନିର୍ଦ୍ଦେଶ ଦେଇଛନ୍ତି ବିଚାରପତି।

ଶାସନ ଥାନା ଅଞ୍ଚଳର ୬ ବର୍ଷୀୟା ପୀଡ଼ିତାଙ୍କ ଘରକୁ ଖଡ଼ିଆପଡ଼ାର ଆକାଶ ୨୦୨୩ ସେପ୍ଟେମ୍ବର ୨୦ ସନ୍ଧ୍ୟାରେ ଆସିଥିଲେ। ସେ ଉକ୍ତ ପରିବାର ସହିତ ପୂର୍ବରୁ ପରିଚିତ ଥିବାରୁ ନାବାଳିକାଙ୍କୁ ନିଜ ସାଇକେଲ୍‌ରେ ବସାଇ ବୁଲାଇବାକୁ ଗାଁ ଦାଣ୍ଡକୁ ନେଇଥିଲେ। ଗ୍ରାମଠାରୁ କିଛି ଦୂର ଯିବା ପରେ ସେ ନାବାଳିକାଙ୍କୁ ଅସଦାଚରଣ କରିଥିଲେ। ଏହାପରେ ନାବାଳିକାଙ୍କୁ ଆଣି ତାଙ୍କ ଘର ପାଖରେ ଛାଡ଼ି ଦେଇଥିଲେ। ପୀଡ଼ିତାଙ୍କ ରକ୍ତସ୍ରାବ ହେଉଥିବା ଦେଖି ତାଙ୍କ ମା' ପଚାରିବାରୁ ସାଇକେଲରୁ ଖସି ପଡିବାରୁ ଏଭଳି ହେଉଥିବା ଆକାଶ କହିଥିଲେ। ପରେ ସବୁ କଥା ଜାଣିବା ପରେ ପରିବାର ଲୋକେ ଥାନାରେ ଏତଲା ଦେଇଥିଲେ। ପୋଲିସ ଆକାଶଙ୍କୁ ଗିରଫ କରିଥିଲା। ସ୍ୱତନ୍ତ୍ର ସରକାରୀ ଓକିଲ ସନ୍ତୋଷ କୁମାର ପଣ୍ଡା ପରିଚାଳନା କରିଥିଲେ।

# ବଳାତ୍କାର ଅଭିଯୁକ୍ତଙ୍କୁ ୨୦ବର୍ଷ କାରାଦଣ୍ଡାଦେଶ

ଅନୁଗୋଳ,୧୦।୪ (ମାନସ ବିଶ୍ୱାଳ)

ଅନୁଗୋଳ ଅତିରିକ୍ତ ଜିଲା ଓ ସେସନ ଜଜ୍ ଫାଷ୍ଟଟ୍ରାକ୍ କୋର୍ଟର ବିଚାରପତି ବିରଞ୍ଚି ନାରାୟଣ ମିଶ୍ର ଏକ ଭିନ୍ନକ୍ଷମ ନାବାଳିକା ବଳାତ୍କାର ମାମଲାର ଶୁଣାଣି କରି ଅଭିଯୁକ୍ତ ନିଶା ଶିଳ୍ପାଞ୍ଚଳ ଥାନା ଅଞ୍ଚଳର ଚନ୍ଦନ ମାଝୀଙ୍କୁ ଦୋଷୀ ସାବ୍ୟସ୍ତ କରିଛନ୍ତି। ଏଥିସହ ତାଙ୍କୁ ୨୦ବର୍ଷ ସଶ୍ରମ କାରାଦଣ୍ଡରେ ଦଣ୍ଡିତ କରିଛନ୍ତି। ମାମଲାରୁ ପ୍ରକାଶ, ୨୦୨୪ ଜାନୁଆରୀ ୭ ଅପରାହ୍ନରେ ନାବାଳିକା ଜଣକ ଘର ଅଗଣାରେ ଖେଳୁଥିଲେ। ଏହି ସମୟରେ ଅଭିଯୁକ୍ତ ଚନ୍ଦନ ନାବାଳିକାଙ୍କୁ ନିକଟସ୍ଥ ଶାଗୁଆନ ବାଡ଼ିକୁ ନେଇ ବଳାତ୍କାର କରିଥିଲେ। ନାବାଳିକାଙ୍କ ମା' ଝିଅକୁ ଉଦ୍ଧାର କରିବା ସହ ଶିଳ୍ପାଞ୍ଚଳ ଥାନାରେ ଲିଖିତ ଏତଲା ଦେଇଥିଲେ। ପୋଲିସ ଏକ ମାମଲା ରୁଜୁ କରି ଅଭିଯୁକ୍ତ ଚନ୍ଦନଙ୍କୁ ଗିରଫ କରିଥିଲା। ୧୧ ଜଣଙ୍କ ସାକ୍ଷ୍ୟ ପ୍ରମାଣକୁ ଆଧାର କରି ଅଦାଲତ ଦୋଷୀ ଚନ୍ଦନଙ୍କୁ ୨୦ ବର୍ଷ କାରାଦଣ୍ଡାଦେଶ ପ୍ରଦାନ କରିବା ସହ ପୀଡ଼ିତା ନାବାଳିକାଙ୍କୁ ୬ ଲକ୍ଷ ଟଙ୍କା ଅନୁକମ୍ପାମୂଳକ ଅର୍ଥିକ ରାଶି ପ୍ରଦାନ କରିବା ପାଇଁ ନିର୍ଦ୍ଦେଶ ଦେଇଥିଲେ। ସରକାରଙ୍କ ପକ୍ଷରୁ ଏହି ମାମଲାକୁ ସ୍ପେଶାଲ ପି.ପି. ପ୍ରଦୀପ କୁମାର ଭୂତିଆ ପରିଚାଳନା କରିଥିଲେ।

# ପିଲାଚୋରି ଅଭିଯୋଗ, ଯୁବକଙ୍କୁ ପୋଲିସ ଜିମାଦେଲେ ଲୋକେ

ଅମରପାଲି,୧୦।୪(ପୀତାମ୍ବର ସାହୁ)


ଅଭିଯୁକ୍ତ ଯୁବକ।

ସୁବର୍ଣ୍ଣପୁର ଜିଲା ବୀରମହାରାଜପୁର ବ୍ଲକ ଅନ୍ତର୍ଗତ ଅମରପାଲି ଗ୍ରାମରେ ପିଲା ଚୋରି ଅଭିଯୋଗ ହୋଇଛି। ପିଲାଚୋରି ଅଭିଯୋଗରେ ଜଣେ ଯୁବକଙ୍କୁ ସ୍ଥାନୀୟ ଲୋକେ ନିସ୍ତୁକ ମାଡ଼ ମାରିବା ସହ ପୋଲିସ ଜିମା ଦେଇଛନ୍ତି। ସମ୍ପୃକ୍ତ ଯୁବକ ହେଲେ ଅନୁଗୋଳ ଜିଲା କିଶୋରନଗର ଥାନା ଅନ୍ତର୍ଗତ ମାଣିକପୁର ଗ୍ରାମର ସ୍ୱାଧୀନ ବେହେରା ବୋଲି ଜଣାପଡ଼ିଛି। ସେ ବୀରମହାରାଜପୁର ଥାନା ଲୁଡୁରପଙ୍କ ପଞ୍ଚାୟତ ଅନ୍ତର୍ଗତ ପୁରୁଷୋତ୍ତମପୁର ଗ୍ରାମରେ ବିବାହ କରିଥିବା ପୋଲିସକୁ ପଚରାଉଚରା ବେଳେ କହିଛନ୍ତି। ଅଭିଯୋଗ ଅନୁସାରେ ଗୁରୁବାର ଅପରାହ୍ନରେ ଅମରପାଲି ଗ୍ରାମର ଶ୍ରୀମଦ ଭିସରଙ୍କ ୧୪ବର୍ଷୀୟ ଦିବ୍ୟାଙ୍ଗ ପୁଅକୁ ପ୍ରଲୋଭନ ଦେଖାଇ ସ୍ୱାଧୀନ ସାଙ୍ଗରେ ନେଇଯାଉଥିଲେ। ସନ୍ଦେହ ହେବାରୁ ସ୍ଥାନୀୟ ଅଞ୍ଚଳର କେତେକ ଯୁବକ ପଚରାଉଚରା କରିବାବେଳେ ସ୍ୱାଧୀନ ସେଠାରୁ ଦୌଡ଼ି ପଳାଇଥିଲେ। ତାଙ୍କୁ ଗୋଡାଇ ଲୋକେ ବହଳପଦର ନିକଟରେ ଧରିଥିଲେ। ତାଙ୍କ କଥାବାର୍ତ୍ତା ସନ୍ଦେହଜନକ ହୋଇଥିଲା। ପିଲାଚୋରି କରି ନେଉଥିବା ଅଭିଯୋଗ ପରେ ସେମାନେ ତାଙ୍କୁ ମାରପିଟ କରିଥିଲେ। ପରେ ସେମାନେ ତାଙ୍କୁ ଜିମା ଦେଇଥିଲେ। ତାଙ୍କ ପାଖରୁ ପୋଲିସ ଏକ ଛୁରି ଜବତ କରିଛି।




## ଢଗଢମାଳି

(କ୍ରମେ ଲୋକମୁଖରୁ ଓ ଜନମାନସରୁ ବିସ୍ମୃତ ହେଉଥିବା ଢଗଢମାଳିକୁ ପାଠିକା-ପାଠକଙ୍କ ନିକଟରେ ପହଞ୍ଚାଇବା ସକାଶେ ଧରିତ୍ରୀର ପ୍ରୟାସ)


**ଧୋବ ଧାଉଳିଆ ଯେଉଁଠି**
**ପୁଳା ଟଙ୍କା ପଡ଼େ ସେଇଠି।**

ବଡ଼ବଡ଼ିଆଙ୍କ ପାଖରେ ସମସ୍ତେ ନେଇ ଅର୍ଥ ଠୁଳ କରନ୍ତି। କ୍ଷମତାଶାଳୀଙ୍କ ପାଖରେ ଟଙ୍କା ଭୋଗ ନ ଥୋଇଲେ କାମ କିଛି ହେଉ ନ ଥିବା ପରିପ୍ରେକ୍ଷୀରେ ଏଭଳି ଉକ୍ତି ପ୍ରକାଶ କରାଯାଇଛି।

**ଧେଇ ଧେଇ ଧେଇକି ନାଟ**
**ପେଜ ପିଆଠାରେ ବସିଛି ହାଟ।**

ସାଧାରଣତଃ ବଡ଼ ଲୋକ ଭୁଲ୍ କଲେ କିଛି ହଟଗୋଳ ହୋଇ ନ ଥାଏ। କିନ୍ତୁ ଗରିବ ବା ଅଭାବୀ ଲୋକଙ୍କର ସାମାନ୍ୟତମ ଭୁଲ୍ ପାଇଁ ବି କଥା କୋର୍ଟ କଚେରିକୁ ଯାଏ, ନ ହେଲେ ସଭା କିମ୍ବା ନିଶାପ ବସିଥାଏ। ଏହାହିଁ ଏ ଦୁନିଆର ରୀତି ବୋଲି ଏଠାରେ ଉଲ୍ଲେଖ କରାଯାଇଛି।

ଓଡ଼ିଆ ଢଗଢମାଳି ଓ ରୁଢ଼ି ପ୍ରୟୋଗ-ଏ.କେ. ମିଶ୍ର ପବ୍ଲିଶର୍ସ ପ୍ରା:ଲିଃ:

ଗୁରୁବାର ଅପରାହ୍ନ ୫ଟାରେ ମହାକାଶରୁ ଉତ୍ତୋଳିତ ପାଣିପାଗର ଚିତ୍ର।

# ଚୁନୁରିରେ ତଣ୍ଟିକୁ ଭିଡ଼ି ମାରିଥିଲେ ପ୍ରେମିକ

**ଦୟାନଦୀ ପଠାରୁ ଯୁବତୀଙ୍କ ମୃତଦେହ ଜବତ ଘଟଣାର ପର୍ଦ୍ଦାଫାଶ**

ଭୁବନେଶ୍ୱର,୧୦।୪ (ସତ୍ୟଜିତ୍ ରାଉତ)


ଅଭିଯୁକ୍ତ ଚନ୍ଦନ ପରିଡା

ପ୍ରାୟ ଅଢ଼େଇ ମାସ ତଳେ ଭୁବନେଶ୍ୱର ଧଉଳି ଥାନା ଅନ୍ତର୍ଗତ ଲିଙ୍ଗିପୁର ମେଲଣପଡ଼ିଆ ନିକଟ ଦୟାନଦୀ ପଠାରେ ଜଣେ ଅଚିହ୍ନା ଯୁବତୀଙ୍କ ଗଳିତ ମୃତଦେହ ଜବତ ଘଟଣାରେ ସତ ପଦାକୁ ଆସିଛି। ଏହା ଏକ ହତ୍ୟାକାଣ୍ଡ ଥିଲା ବୋଲି କମିଶନରେଟ୍ ପୋଲିସ କହିବା ସହ ପରଦା ପଛରେ ଥିବା ରହସ୍ୟ ଉନ୍ମୋଚନ କରିଛି। ମୃତା ଯୁବତୀ ହେଲେ କନ୍ଧମାଳର ସ୍ନେହା ବେହେରା ଓରଫ ଅପର୍ଣ୍ଣା (୩୦)। ନିବିଡ଼ ପ୍ରେମ ସମ୍ପର୍କ ଭିତରେ କୁହୁଳୁଥିବା ସନ୍ଦେହରୁ ଏହି ବର୍ବରୋଚିତ କାଣ୍ଡ ଘଟିଥିଲା। ଧଉଳି ବୁଲାଇବାକୁ ନେଇ ଫେରିବା ବେଳେ ପ୍ରେମିକ ହିଁ ଚୁନୁରିରେ ତାଙ୍କ ବେକକୁ ଭିଡ଼ି ଜୀବନ ନେଇଥିଲେ। ଗୁରୁବାର ଖବରଦାତା ସମ୍ମିଳନୀରେ ପୋଲିସ କମିଶନର ଏସ୍. ଦେବଦତ୍ତ ସିଂ ଏହି ସୂଚନା ଦେଇଛନ୍ତି। ଏହି ଘଟଣାରେ ଧଉଳି ପାଲିସ ଏକ ହତ୍ୟା ମାମଲା (ନଂ.୬୦/୨୦୨୫) ରୁଜୁ କରି ଅଭିଯୁକ୍ତ ପ୍ରେମିକ ଚନ୍ଦନ ପରିଡା ଓରଫ ମଙ୍ଗୁ (୨୭)ଙ୍କୁ ଗିରଫ କରିଛି। ଚନ୍ଦନଙ୍କ ଘର ଜଗତ୍‌ସିଂପୁର ଜିଲା କୁଜଙ୍ଗ ଥାନା ଅଧୀନ କାଠକୋଟା ଗାଁରେ ଓ ସେ ଭୁବନେଶ୍ୱର କଟକରୋଡ଼ସ୍ଥିତ ଏକ ହୋଟେଲରେ ସିକ୍ୟୁରିଟି ଗାର୍ଡ ଥିଲେ। ଅଭିଯୁକ୍ତ ଚନ୍ଦନଙ୍କୁ କୋର୍ଟଚାଲାଣ ପରେ ଜେଲକୁ ପଠାଇ ଦିଆଯାଇଛି। ଚନ୍ଦଙ୍କ ନାଁରେ କୁଜଙ୍ଗ ଥାନାରେ ଦୁଇଟି ମାମଲା ରହିଛି। ପୋଲିସ ଟିମ୍ ଚନ୍ଦନଙ୍କୁ ଘଟଣାସ୍ଥଳକୁ ନେଇ କ୍ରାଇମ୍ ସିନ୍ ରିକ୍ରିଏଟ୍ କରିବା ସହ ପୂରା ଘଟଣାର ତଥ୍ୟ ହାସଲ କରିଛି।

## ଫେସ୍‌ବୁକ୍‌ରୁ ପ୍ରେମ

ସ୍ନେହାଙ୍କ ଘର କନ୍ଧମାଳରେ ହୋଇଥିବା ସେ ଭୁବନେଶ୍ୱର ନୟାପଲ୍ଲୀ ବରମୁଣ୍ଡା ବେହେରା ସାହିରେ ରହି ଏକ ଧୂପ କାରଖାନାରେ କାମ କରୁଥିଲେ। ଏଥିସହ ଅନ୍ୟାନ୍ୟ ଛୋଟମୋଟ କାମ ମଧ୍ୟ କରୁଥିଲେ। ଗତବର୍ଷ ମାର୍ଚ୍ଚରେ ଫେସବୁକ୍‌ରେ ଚନ୍ଦନଙ୍କ ସମ୍ପର୍କରେ ଆସିଥିଲେ। ଉଭୟ ଫ୍ରେଣ୍ଡ ହେବା ପରେ ମେସେଞ୍ଜର୍‌ରେ ଚାଟିଂ ଏବଂ ନମ୍ବର ଦିଆନିଆ ହୋଇଥିଲେ। ପରେ ଉଭୟ ବିଭିନ୍ନ ସମୟରେ ପାର୍କ ଆଦି ବୁଲିଯିବା ସହ ପ୍ରେମ ସମ୍ପର୍କରେ ଘନିଷ୍ଠତା ବଢ଼ିଥିଲା। ସ୍ନେହାଙ୍କୁ ଚନ୍ଦନ ଏକ ନୂଆ ମୋବାଇଲ ଦେଇଥିଲେ। ଏପରିକି ଅଧିକାଂଶ ସମୟରେ ଟଙ୍କା ମଧ୍ୟ ଦେଉଥିଲେ।

## ଜାନୁଆରୀ ୧୦ ସ୍ନେହାଙ୍କ ପାଇଁ ଥିଲା ଶେଷଦିନ

ସ୍ନେହା ଜାନୁଆରୀ ୧୦ରେ ଘରୁ ଭୁବନେଶ୍ୱର ଫେରିଥିଲେ। ପରେ ଚନ୍ଦନଙ୍କ ସହ ସେ ମୋ ବସ୍‌ରେ ଧଉଳି ଶାନ୍ତିସ୍ତୁପକୁ ବୁଲିବାକୁ ଯାଇଥିଲେ। ତେବେ ସ୍ନେହାଙ୍କ ମୋବାଇଲ ପ୍ରାୟ ସମୟରେ ବିଜି ରହୁଥିବାରୁ ସେ ଅନ୍ୟ ଜଣେ ଯୁବକଙ୍କ ସହ ସମ୍ପର୍କ ବଢ଼ାଉଥିବା ଚନ୍ଦନଙ୍କ ମନରେ ସନ୍ଦେହ ଉପୁଜିଥିଲା। ବୁଲାବୁଲି ସମୟରେ ଉଭୟଙ୍କ ମଧ୍ୟରେ ଯୁକ୍ତିତର୍କ ବଢ଼ିଥିଲା। ଚନ୍ଦନଙ୍କ ପ୍ରଶ୍ନକୁ ସ୍ନେହା ବାଆଁରେଇ ଦେଇଥିଲେ। ଉଭୟ ଅଟୋ ଯୋଗେ ଧଉଳିଛକକୁ ଫେରିଥିଲେ। ଝଗଡ଼ାଭିତରେ ଉଭୟ ଆଗ ପଛ ହୋଇ ଚାଲି ଚାଲି ଦୟାନଦୀ ପଠା ଆଡକୁ ଆସିଥିଲେ। ସନ୍ଧ୍ୟାରେ ବାଲିଯାତ୍ରା ପଡିଆ ପାଖରେ ଝଗଡା ଉଗ୍ରରୂପ ନେଇଥିଲା। ହଠାତ୍ ସ୍ନେହାଙ୍କୁ ଚନ୍ଦନ ଶକ୍ତ ଚାପୁଡା ମାରିବା ସହ ଗାଳି ଦେଇଥିଲେ। ସ୍ନେହା ତଳେ ପଡ଼ିଯିବାରୁ ରାଗରେ ଜର୍ଜରିତ ଚନ୍ଦନ ଚୁନୁରିରେ ତାଙ୍କ ବେକକୁ ଭିଡ଼ି ହତ୍ୟା କରିଥିଲେ। ସେଠାରେ ହିଁ ସ୍ନେହାଙ୍କ ପ୍ରାଣବାୟୁ ଉଡ଼ିଯିବା ପରେ ରାସ୍ତା କଡରେ ମୃତଦେହ ଫିଙ୍ଗି ଚନ୍ଦନ ଚାଲିଆସିଥିଲେ।

# ଶ୍ମଶାନ ମାଟି ତଳୁ ଶବ ଗାଏବ

ଭଣ୍ଡାରିପୋଖରୀ,୧୦।୪ (ରାଜେନ୍ଦ୍ର ଶତପଥୀ)


ମୃତଦେହ ଗାଏବ ହୋଇଥିବା ସ୍ଥାନ

**ପୋତାଯାଇଥିଲା, ଦଶାହ କର୍ମବେଳକୁ ନାହିଁ**

ଶ୍ମଶାନରୁ ଶବ ଗାଏବ। ଗାଁ ଶ୍ମଶାନରେ ମା'ଙ୍କ ମୃତଦେହ ପୋତାଯାଇଥିଲା। ଦଶାହ କର୍ମ ପାଇଁ ପୁଅ ଗଲାବେଳକୁ ଶ୍ମଶାନରେ ମୃତଦେହ ନାହିଁ। ଭଦ୍ରକ ଜିଲା ଭଣ୍ଡାରିପୋଖରୀ ଥାନା ଅନ୍ତର୍ଗତ ମଣିନାଥପୁର ବୈତରଣୀ ନଦୀପଠାରେ ଥିବା ଶ୍ମଶାନରେ ଗୁରୁବାର ସକାଳେ ଏଭଳି ଘଟଣା ଦେଖିବାକୁ ମିଳିଛି। ମୃତା ମହିଳା ହେଲେ ମଣିନାଥପୁର ଗ୍ରାମର ରୁକ୍ମିଣୀ ସାମଲ। ଗତ ୧ ତାରିଖରେ ହୃଦ୍‌ଘାତରେ ତାଙ୍କର ମୃତ୍ୟୁ ଘଟିଥିଲା। ନଦୀପଠାରେ ଥିବା ଶ୍ମଶାନରେ ତାଙ୍କ ମୃତଦେହ ପୋତାଯାଇଥିଲା। ଦଶାହ କର୍ମ ପାଇଁ ମୁଖାଗ୍ନି ଦେଇଥିବା ତାଙ୍କ ପୁଅ ତପନ ସାମଲ ସକାଳେ ଉକ୍ତ ସ୍ଥାନକୁ ଯାଇଥିବା ବେଳେ ଗାତ ଖୋଳାଯାଇ ଶବ ଗାଏବ ହୋଇଥିବା ସେ ଦେଖିବାକୁ ପାଇଥିଲେ। ସେଠାରେ ପାଣି ଓ ମଦ ବୋତଲ ପଡ଼ିଥିଲା। ପ୍ରାୟ ୨ଶହ ମିଟର ଘୋଷରା ଯାଇଥିବା ସ୍ଥାନରେ ପଚି ଯାଇଥିବା ମାଂସ ଓ ଅନ୍ତଃବସ୍ତ୍ର ପଡ଼ିଥିବା ସେ ଦେଖିଥିଲେ। ମୃତା ରୁକ୍ମିଣୀଙ୍କ ସ୍ୱାମୀ ଶ୍ରୀମନ୍ତ ସାମଲ ଏନେଇ ଥାନାରେ ଅଭିଯୋଗ କରିଛନ୍ତି। ବୁଧବାର ରାତିରେ ମୃତଦେହ ଚୋରି ହୋଇଥିବା ନେଇ ଦର୍ଶାଯାଇଛି। ଅଭିଯୋଗ ପରେ ପୋଲିସ ଘଟଣାସ୍ଥଳକୁ ଯାଇ ତଦନ୍ତ ଚଳାଇଛି। ପ୍ରକାଶଥାଉ କି, ୨୦୨୩ ଜୁନ୍ ୨୩ ରାତିରେ ଏହି ଶ୍ମଶାନରୁ ଏକକାଳୀନ ୩ ମୃତଦେହ ଗାଏବ ହୋଇଯାଇଥିବା ନେଇ ଗ୍ରାମବାସୀ ଥାନାରେ ଅଭିଯୋଗ କରିଥିଲେ। ଏହି ଘଟଣାରେ ପୋଲିସ ଘଟଣାସ୍ଥଳକୁ ଯାଇ ତଦନ୍ତ କରିଥିଲା। ୨୦୨୩ ଏପ୍ରିଲ ୨୪ରେ ମୃତକ ଗ୍ରାମର ଶ୍ରୀକାନ୍ତ ବେହେରା, ୩ରେ ମୃତକ ଅକ୍ଷୟ ବେହେରା ଓ ଅନନ୍ତ ନାଥଙ୍କ ଶବ ନ ଥିବା ଚିହ୍ନଟ ହୋଇଥିଲା। ଖୋଳାଯାଇଥିବା ୩ଟି ଗାତ ନିକଟରୁ ସଂସ୍କାର ସମୟରେ ମୃତଦେହର ପିନ୍ଧାବସ୍ତ୍ର ପଡ଼ିଥିଲା। ଏଥିପୂର୍ବରୁ ୨୦୧୬ରେ ମୃତଦେହ ଚୋରି ହୋଇଥିବା ସମ୍ପର୍କରେ ଗ୍ରାମବାସୀ ପ୍ରଥମେ ଅବଗତ ହୋଇଥିଲେ। ନଦୀର ବାଲି ଖାଲରେ ବୁଡ଼ିଯାଇ ପ୍ରାଣ ହରାଇଥିବା ଜଣେ ଶିଶୁର ମୃତଦେହ ପୋତାଯିବାର ଦୁଇମାସ ପରେ ଖୋଳି ନିଆଯାଇଥିଲା। ଏହା ଗୁଣିଗାରେଡ଼ି କିମ୍ବା ବିଜ୍ଞାନ ପରୀକ୍ଷାଗାର କିମ୍ବା ଡାକ୍ତରୀ ଶିକ୍ଷା ଉଦ୍ଦେଶ୍ୟରେ ବ୍ୟବହାର ପାଇଁ ଚୋରି କରାଯାଇଥାଇପାରେ ବୋଲି ଗ୍ରାମବାସୀ ଆଲୋଚନା କରୁଛନ୍ତି।

# ସନସ୍ୟୁର ଏନର୍ଜି ସହ ଜେଏସ୍ଏଲ୍ ସୁପର ଷ୍ଟିଲ୍‌ର ବୁଝାମଣା

**ଭୁବନେଶ୍ୱର,୧୦।୪ (ଅଭୟ ଦାଶ)**

ଭାରତର ସର୍ବବୃହତ୍ ଷ୍ଟେନଲେସ୍ ଷ୍ଟିଲ ଉତ୍ପାଦନକାରୀ ଜିନ୍ଦଲ ଷ୍ଟେନଲେସର ଗାଜିଆବାଦସ୍ଥିତ ସହାୟକ କମ୍ପାନୀ ଜେଏସ୍ଏଲ ସୁପର ଷ୍ଟିଲ ଏବଂ ଶକ୍ତି ଉତ୍ପାଦନକାରୀ କମ୍ପାନୀ ସନସ୍ୟୁର ଏନର୍ଜି ମଧ୍ୟରେ ଏକ ଦ୍ୱିପାକ୍ଷିକ ବୁଝାମଣା ନିକଟରେ ହୋଇଯାଇଛି। ଏପରିକି ଉଭୟ ସଂସ୍ଥା ୧୧ ମେଗାୱାଟର ଦୀର୍ଘମିଆଦୀ ଶକ୍ତି କ୍ରୟ ଚୁକ୍ତି (ପିପିଏ) ସ୍ୱାକ୍ଷର କରିଛନ୍ତି। ବୁଝାମଣା ଅନୁଯାୟୀ ଉତ୍ତର ପ୍ରଦେଶର ଅଗସାଇଠାରେ ଥିବା ୪୯ ମେଗାୱାଟ୍ ପିକ୍ ସୌର ପ୍ରକଳ୍ପରୁ ଏହା ୧୧ ମେଗାୱାଟ୍ ସୌର ଶକ୍ତି ଗ୍ରହଣ କରିବ ଏବଂ ଏହାର ପ୍ଲାଣ୍ଟରେ ପ୍ରାୟ ୫୦% ସ୍ୱଚ୍ଛ ଶକ୍ତି ଉପଯୋଗ କରିବ। ସ୍ଥାୟୀ ଶିଳ୍ପ ଅଭିବୃଦ୍ଧି ଦିଗରେ ଏହା ଏକ ଐତିହାସିକ ପଦକ୍ଷେପ ହେବ ବୋଲି କୁହାଯାଉଛି।




ଜିନ୍ଦଲ ଷ୍ଟେନଲେସ୍‌ର ପୂର୍ଣ୍ଣକାଳୀନ ନିର୍ଦ୍ଦେଶକ ତଥା ମୁଖ୍ୟ ପରିଚାଳନା ଅଧିକାରୀ ଜଗମୋହନ ସୁଦ୍ କହିଛନ୍ତି, ଜେଏସ୍ଏଲ ସୁପର ଷ୍ଟିଲ୍‌ର ଏହି ଭାଗୀଦାରି ଆମର ନେଟ୍ ଜିରୋ ଲକ୍ଷ୍ୟ ହାସଲ ଦିଗରେ ଆଉ ଏକ ପଦକ୍ଷେପ ଏବଂ ୨୦୩୫ ସୁଦ୍ଧା ୫୦% କାର୍ବନ ନିର୍ଗମନ ହ୍ରାସ କରିବାର ଆମର ସ୍ୱଳ୍ପକାଳୀନ ଲକ୍ଷ୍ୟର ଏକ ଅଂଶ। ଆମର ଉତ୍ପାଦନ ପ୍ରକ୍ରିୟାରେ ଅକ୍ଷୟ ଶକ୍ତିକୁ ସମନ୍ୱିତ କରି ଆମେ କେବଳ କାର୍ବନ ଫୁଟପ୍ରିଣ୍ଟ ହ୍ରାସ କରୁନାହୁଁ ବରଂ ଭାରତରେ ଧାତୁ ଶିଳ୍ପ ପାଇଁ ନୂତନ ମାନଦଣ୍ଡ ମଧ୍ୟ ସ୍ଥାପିତ କରୁଛୁ। ଷ୍ଟେନଲେସ୍ ଷ୍ଟିଲ ଶିଳ୍ପରେ ଏକ ଅଗ୍ରଣୀ କମ୍ପାନୀ ହିସାବରେ ସବୁଜ ହାଇଡ୍ରୋଜେନ ବ୍ୟବହାର, ଜୈବ ଇନ୍ଧନର ବ୍ୟବହାର, ଗ୍ରିଡରୁ ଅକ୍ଷୟ ଶକ୍ତି ଅଂଶ ବୃଦ୍ଧି ଇତ୍ୟାଦି ମାଧ୍ୟମରେ ସ୍ୱଚ୍ଛ ଉପାୟ ଅବଲମ୍ବନ କରିବା ଏକ ଦାୟିତ୍ୱ ବୋଲି ଆମେ ବିଚାର କରୁଅଛୁ। ସେହିଭଳି ସନସ୍ୟୁର ଏନର୍ଜିର ପ୍ରତିଷ୍ଠାତା ଅଧ୍ୟକ୍ଷ ତଥା ସିଇଓ ଶଶାଙ୍କ ଶର୍ମା କହିଛନ୍ତି, ଶିଳ୍ପ କ୍ଷେତ୍ର ଭାରତର ଅକ୍ଷୟ ଶକ୍ତି ଲକ୍ଷ୍ୟ ସହ ଯୋଡି ହୋଇଥିବାରୁ ଏଭଳି ସହଯୋଗ ଦାୟିତ୍ୱପୂର୍ଣ୍ଣ ଅଭିବୃଦ୍ଧି ପାଇଁ ଏକ ଉଦାହରଣ ସୃଷ୍ଟି କରିଛି। ଏହି ଚୁକ୍ତି ମାଧ୍ୟମରେ ଜିନ୍ଦଲ ଷ୍ଟେନଲେସ୍ ଲିମିଟେଡ୍ ଅକ୍ଷୟ ଉତ୍ସରୁ ଶକ୍ତି ସଂଗ୍ରହ କରି ଉତ୍ତର ପ୍ରଦେଶରେ ଧାତୁ ଶିଳ୍ପ କ୍ଷେତ୍ରରେ ଅଗ୍ରଣୀ ସାଜିଛି। ଏହା ଦର୍ଶାଉଛି ଯେ ସ୍ୱଚ୍ଛ ଶକ୍ତି କେବଳ ଏକ ବିକଳ୍ପ ନୁହେଁ, ବରଂ ଶିଳ୍ପ ପ୍ରଗତିର ଭବିଷ୍ୟତ। ନିରନ୍ତର ବିକାଶ ପଦକ୍ଷେପ ପାଇଁ ଜେଏସ୍ଏଲ୍‌ର ସୁପରିଚିତ ଏବଂ ସେମାନଙ୍କୁ ଆମର ଗ୍ରାହକ ପରିବାରରେ ସ୍ୱାଗତ କରି ଆମେ ଗର୍ବ ଅନୁଭବ କରୁଛୁ। ଅପରପକ୍ଷରେ ଜେଏସ୍ଏଲ ସୁପର ଷ୍ଟିଲ ସହ ସନସ୍ୟୁର ଏନର୍ଜିର ବୁଝାମଣା (ଭାଗୀଦାରି) ଭାରତର ବାଣିଜ୍ୟିକ ଏବଂ ଶିଳ୍ପ କ୍ଷେତ୍ରରେ ଅକ୍ଷୟ ଶକ୍ତିକୁ ଆଗକୁ ବଢ଼ାଇବାର ଲକ୍ଷ୍ୟକୁ ଆହୁରି ସୁଦୃଢ଼ କରିବ। ଏହି ଭାଗୀଦାରି ଜେଏସ୍ଏଲ ସୁପର ଷ୍ଟିଲ୍‌କୁ ବାର୍ଷିକ ୧୬.୫ ମିଲିୟନ ୟୁନିଟ୍ (ଏମୟୁ) ସ୍ୱଚ୍ଛ ଶକ୍ତି ପାଇବାରେ ସକ୍ଷମ କରିବ ଏବଂ କମ୍ପାନୀକୁ ବାର୍ଷିକ ୧୨ ମିଲିୟନ କିଲୋଗ୍ରାମ କାର୍ବନ ନିର୍ଗମନକୁ ହ୍ରାସ କରିବାରେ ସାହାଯ୍ୟ କରିବ, ଯାହା ୫ ଲକ୍ଷ ୪୫ ହଜାରରୁ ଅଧିକ ଗଛ ଲଗାଇବା ସହିତ ସମାନ। ଏହି ପଦକ୍ଷେପ ସବୁଜ ଇସ୍ପାତ ଉତ୍ପାଦନ ପାଇଁ ଭାରତର ପ୍ରୟାସକୁ ସୁଦୃଢ଼ କରିବ ଏବଂ ଏକ ଶିଳ୍ପ କ୍ଷେତ୍ରରେ ରୂପାନ୍ତରଣ ଆଣିବ, ଯାହାର ଉଦ୍ଦେଶ୍ୟ ହେଉଛି ଶକ୍ତି ଭିତିକ ଶିଳ୍ପ କ୍ଷେତ୍ରରେ କାର୍ବନ ନିର୍ଗମନକୁ ରୋକିବ।

# ଫିଜିକ୍ସୱାଲାର ୨ୟ ଅଫ୍‌ଲାଇନ ସେଣ୍ଟର ଉଦ୍‌ଘାଟିତ



ପିଡବ୍ଲ୍ୟୁର ଦ୍ୱିତୀୟ ଅଫ୍‌ଲାଇନ ସେଣ୍ଟର ଉଦ୍‌ଘାଟନୀ ଉତ୍ସବରେ ଅତିଥିଙ୍କ ସହ ଅନ୍ୟମାନେ ଉପସ୍ଥିତ ଅଛନ୍ତି।

**ଭୁବନେଶ୍ୱର,୧୦।୪**

ଫିଜିକ୍ସୱାଲା (ପିଡବ୍ଲ୍ୟୁ)ର ଦ୍ୱିତୀୟ ଅଫ୍‌ଲାଇନ ସେଣ୍ଟର 'ବିଦ୍ୟାପୀଠ କେନ୍ଦ୍ର' ଭୁବନେଶ୍ୱରର ଚନ୍ଦ୍ରଶେଖରପୁରସ୍ଥିତ ଇନ୍‌ଫିନିଆ ଟାୱାରରେ ଉଦ୍‌ଘାଟିତ ହୋଇଯାଇଛି। ବିଶେଷକରି ଏହା ଏକ ନୂତନ ଟେକ୍-ସକ୍ଷମ 'ପିଡବ୍ଲ୍ୟୁ ବିଦ୍ୟାପୀଠ କେନ୍ଦ୍ର' ହୋଇଥିଲାବେଳେ ଏଠାରେ ଛାତ୍ରୀଛାତ୍ରମାନେ ଅନୁଭବୀ ଶିକ୍ଷକଙ୍କ ନେତୃତ୍ୱରେ ପାଠ ପଢ଼ି ପାରିବେ। ଏହି ଅବସରରେ ଫିଜିକ୍ସୱାଲାର ମୁଖ୍ୟ ଅଭିବୃଦ୍ଧି ଅଧିକାରୀ ବିବେକ ଗୌର ସମ୍ମାନିତ ଅତିଥି ଭାବେ ଯୋଗଦେଇ ଏହାର ଉଦ୍‌ଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ପିଡବ୍ଲ୍ୟୁର ବହୁ ବରିଷ୍ଠ ଅଧିକାରୀ ଓ ସେଣ୍ଟର କର୍ମଚାରୀ ଏବଂ ଅନ୍ୟମାନେ ଉପସ୍ଥିତ ଥିଲେ।

ଏ ସମ୍ପର୍କରେ ଫିଜିକ୍ସୱାଲାର ସିଇଓ (ଅଫ୍‌ଲାଇନ) ଅଙ୍କିତ ଗୁପ୍ତା କହିଛନ୍ତି, ଆମେ ସର୍ବଦା ଛାତ୍ରୀଛାତ୍ରମାନଙ୍କର ଶିକ୍ଷା ଗ୍ରହଣ ଅନୁଭବକୁ ଉନ୍ନତ କରିବାର ଉପାୟ ଖୋଜିବାକୁ ଚେଷ୍ଟା କରୁଛୁ। ଭୁବନେଶ୍ୱରରେ ଆମର ପୂର୍ବ କେନ୍ଦ୍ର ସହିତ ଏକ ନୂତନ କେନ୍ଦ୍ର ଖୋଲି ଆମେ ଅଧିକ ଛାତ୍ରୀଛାତ୍ରଙ୍କୁ ସେବା ପ୍ରଦାନ କରିବା ଏବଂ ସେମାନଙ୍କ ଘର ନିକଟରେ ଉଚ୍ଚ ଗୁଣବତ୍ତା ଶିକ୍ଷା ପହଞ୍ଚାଇବାକୁ ଲକ୍ଷ୍ୟ ରଖିଛୁ। ଏହା ବ୍ୟତୀତ ପିଡବ୍ଲ୍ୟୁଏସ୍‌ଏଟି ପାଇଁ ମଧ୍ୟ ନାମଲେଖା ଆରମ୍ଭ ହୋଇଛି, ଯାହା ଛାତ୍ରୀଛାତ୍ରମାନଙ୍କୁ ଅଫ୍‌ଲାଇନ କୋର୍ସଗୁଡିକ ପାଇଁ ଟ୍ୟୁଶନ ଫି ଛାଡ଼ ସୁଯୋଗ ପ୍ରଦାନ କରିବ। ଏହି ପରୀକ୍ଷା ଅଫ୍‌ଲାଇନ ଏବଂ ଅନ୍‌ଲାଇନ ଉଭୟ ମୋଡ୍‌ରେ ଆୟୋଜିତ ହେବ ଏବଂ ଏଥିରେ ସପ୍ତମରୁ ଦ୍ୱାଦଶ ଶ୍ରେଣୀ ପର୍ଯ୍ୟନ୍ତ ଛାତ୍ରଛାତ୍ରୀ ଏବଂ ଜେଇଇ କିମ୍ବା ନିଟ୍ ପାଇଁ ପ୍ରସ୍ତୁତ ହେଉଥିବା ଛାତ୍ରୀଛାତ୍ରମାନେ ଭାଗ ନେଇପାରିବେ।

ପିଡବ୍ଲ୍ୟୁ ବିଦ୍ୟାପୀଠ ହେଉଛି ଟେକ୍-ସକ୍ଷମ ଅଫ୍‌ଲାଇନ କେନ୍ଦ୍ର, ଯେଉଁଠାରେ ଛାତ୍ରୀଛାତ୍ରମାନେ ଅନୁଭବୀ ଶିକ୍ଷକଙ୍କ ନେତୃତ୍ୱରେ ବ୍ୟକ୍ତିଗତଶ୍ରେଣୀରେ ପାଠ ପଢ଼ୁଛନ୍ତି।

# ବଜାରରେ ରିଅଲ୍‌ମିର ନୂତନ ଉତ୍ପାଦ

**ଭୁବନେଶ୍ୱର,୧୦।୪**

ରିଅଲ୍‌ମିର ନୂତନ ଉତ୍ପାଦ ତଥା ଅତ୍ୟାଧୁନିକ ଜ୍ଞାନକୌଶଳରେ ନିର୍ମିତ ରିଅଲମି ନାର୍ଜୋ ୮୦ ପ୍ରୋ ୫ଜି ଏବଂ ରିଅଲ୍‌ମି ନାର୍ଜୋ ୮୦ଏକ୍ସ ୫ଜିର ଶୁଭାରମ୍ଭ ନିକଟରେ ହୋଇଯାଇଛି। ଏ ସମ୍ପର୍କରେ ରିଅଲ୍‌ମିର ମୁଖପାତ୍ର କହିଛନ୍ତି, ନିରବଚ୍ଛିନ୍ନ ପ୍ରଦର୍ଶନ ଚାହୁଁଥିବା ଯୁବା ଉପଭୋକ୍ତାଙ୍କ ପାଇଁ ନାର୍ଜୋ ୮୦ ସିରିଜରେ ଆମର ସବୁଠାରୁ ଶକ୍ତିଶାଳୀ ସୁବିଧାଗୁଡ଼ିକୁ ଅନ୍ତର୍ଭୁକ୍ତ କରାଯାଇଛି। ୮୦ପ୍ରୋର ଗେମିଂ ଆଧିପତ୍ୟ ଏବଂ ୮୦ଏକ୍ସର ସନ୍ତୁଳିତ ଉତ୍କର୍ଷତା ସହିତ ଆମେ ମଧ୍ୟମ ସେଗ୍‌ମେଣ୍ଟରେ ପ୍ରିମିୟମସ୍ତରର ଉଦ୍ଭାବନ ଆଣିଛୁ। ୮୦ ପ୍ରୋରେ ୪୫୦୦ ନିଟ୍ସ ଡିସ୍‌ପ୍ଲେ ଏବଂ ୬୦୦୦ ଏମ୍‌ଏଏଚ୍ ବ୍ୟାଟେରି ସହିତ ୮୦ଏକ୍ସର ସେଗମେଣ୍ଟ-ପ୍ରଥମ ମିଡିଆଟେକ୍ ଡାଇମେନସିଟି ୬୪୦୦ ଚିପ୍‌ସେଟ 'ମେକ୍ ଇଟ୍ ରିୟଲ' ପ୍ରତି ଆମର ପ୍ରତିବଦ୍ଧତାକୁ ଦର୍ଶାଉଛି।

# ସେନ୍‌କୋରେ ବ୍ୟାଙ୍ଗଲ ଉତ୍ସବର ଶୁଭାରମ୍ଭ

**ଭୁବନେଶ୍ୱର,୧୦।୪**

ସେନ୍‌କୋ ଗୋଲ୍ଡ ଆଣ୍ଡ ଡାଇମଣ୍ଡସ (ସେନ୍‌କୋ)ର ବହୁ ପ୍ରତୀକ୍ଷିତ ପ୍ରଦର୍ଶନୀ 'ବ୍ୟାଙ୍ଗଲ ଉତ୍ସବ'ର ଶୁଭାରମ୍ଭ ହୋଇଯାଇଛି। ପୋଇଲା ବୈଶାଖ ଏବଂ ଅକ୍ଷୟ ତୃତୀୟା ଉପଲକ୍ଷେ ଆୟୋଜିତ ଏହି ନୂତନ ବ୍ୟାଙ୍ଗଲ ଉତ୍ସବ ଉଭୟ ପ୍ରଦର୍ଶନୀ ଓ ବିକ୍ରୟ ପାଇଁ ଉପଲବ୍ଧ। ସେନ୍‌କୋ ଗୋଲ୍ଡ ଆଣ୍ଡ ଡାଇମଣ୍ଡସ ଗର୍ବର ସହ ଖୁସିଯୋଁ କି ରିତ ଉପସ୍ଥାପନ କରୁଛି, ସେନ୍‌କୋ କାରିଗରିର ୮୫ ବର୍ଷରୁ ଅଧିକ ଗୌରବମୟ ବର୍ଷ ପାଳନ କରୁଥିବା ବେଳେ 'ଆପ୍‌କା ଶୁକ୍ରିୟା' ପ୍ରତ୍ୟେକ ଫିଲିଗ୍ରୀ, ନକ୍ସୀ ଖୋଦିନ ଏବଂ ହୀରା ସେଟିଂ ପଛରେ ଥିବା କାରିଗରମାନଙ୍କୁ ସ୍ୱୀକୃତି ପ୍ରଦାନ କରୁଛି। ସେନ୍‌କୋ ଗୋଲ୍ଡ ଆଣ୍ଡ ଡାଇମଣ୍ଡସର ନିର୍ଦ୍ଦେଶକ ତଥା ମାର୍କେଟିଂ ଆଣ୍ଡ ଡିଜାଇନ ମୁଖ୍ୟ ଜୋଇତା ସେନ୍ କହିଛନ୍ତି, ଆପ୍‌କା ଶୁକ୍ରିୟା ଅଭିଯାନ ହେଉଛି କାରିଗର ଏବଂ କାରିଗରି ଉପରେ ନିର୍ମିତ ସେନ୍‌କୋର ବିରାସତର ଏକ ଉଦାହରଣ। ଆମର କାରିଗରମାନଙ୍କୁ ସେମାନଙ୍କର ସମର୍ପଣ ଏବଂ ପିଢ଼ି ପିଢ଼ି ଧରି ଆମ ସହିତ ରହିବା ପାଇଁ ଧନ୍ୟବାଦ ଜଣାଉଛୁ। ସେନ୍‌କୋ ଗୋଲ୍ଡ ଆଣ୍ଡ ଡାଇମଣ୍ଡସର ଏମଡି ତଥା ସିଇଓ ଶୁଭଙ୍କର ସେନ୍ କହିଛନ୍ତି, ଏଥର ଆମେ ଐତିହ୍ୟକୁ ସମସାମୟିକ ସୁନ୍ଦରତା ସହିତ ମିଶାଇ ସୁନା, ହୀରା ଏବଂ ପ୍ଲାଟିନମରେ ଚୁଡ଼ି, ବ୍ରେସଲେଟ୍, ଚାର୍ମ, ଚୁର, ବଳା, ପୋଲା ଏବଂ ଶଙ୍ଖା ୧୦୦ରୁ ଅଧିକ ନୂଆ ଡିଜାଇନ୍ ଆଣିଛୁ।

## OFFICE OF THE ENGINEER-IN-CHIEF (CIVIL), ODISHA NIRMAN SOUDHA, UNIT-V, BHUBANESWAR

**INVITATION FOR BIDS (IFB)**

E-mail ID : cebuildings_orissa@yahoo.co.in, cebuildings@rediffmail.com,
No.B-17 Tel. (0674)-2391523

**File No.B-I-Home-24/2025 Lr.No. 14444 Dtd. 4th Apr., 2025**

**NOTICE INVITING REQUEST FOR PROPOSAL (RFP)**

**Bid Identification No: C.E. (B) - 01 / 2025-26**

1. Chief Engineer (Buildings-II), Odisha, Bhubaneswar on behalf of Governor of Odisha invites proposals from experienced and reputed Consulting firms to provide Service of Programme Management Consultancy.

| Sl. No. | Name of Project | EMD | Bid Processing Fee | Period of Service |
|---|---|---|---|---|
| 1. | Selection of Programme Management Consultant (PgMC) for the work, "Construction of New Building of Odisha Bhawan at New Delhi, Chanakyapuri, New Delhi." | 2,00,000/- | 10,000/- | 30 (Thirty) Calendar Months |

1. The bidders must participate in Online bidding only. The website for "ONLINE BIDDING" is https://www.tendersodisha.gov.in
2. Bid documents will be available in the above website from **15.04.2025 to 05:00 P.M. of 07.05.2025** "ONLINE BIDDING".
3. The Pre-Bid queries from the bidders shall be received through e-mail on cebuildings_orissa@yahoo.co.in on or before **dtd.24.04.2025 till 5.00 P.M.**
4. The Prebid meeting will be held on **dtd. 25.04.2025** in the Conference hall of Chief Engineer (Buildings), Nirman Soudh, Bhubaneswar.
5. The Prebid Clarification shall be uploaded on e-procurement portal on **dtd.28.04.2025**.
6. Last date/time for receipt of bid in web portal is **dtd. 07.05.2025**.
7. The tender will be opened on **dtd. 08.05.2025 at 11:00 A.M.** in the office of the E.I.C (Civil), Nirman Soudh Odisha, Bhubaneswar in the presence of the bidders, who wish to attend. Bidders who participated in the bid can witness the opening of bids after logging on to the site through their DSC. If the office happens to be closed on the scheduled date of opening, then the bid will be opened on the next working day at the same time and venue.
8. The bidder must possess compatible Digital Signature Certificate (DSC) of Class-II or Class-III. 9. Bids submitted other than e-procurement platform shall not be considered.
10. Further details can be seen from the e-Procurement portal https://www.tendersodisha.gov.in.
11. The authority reserves the right to cancel any or all bids without assigning any reason thereof.
12. The addendum / corrigendum if any will be posted in the e-procurement portal only.

**Sd./- Chief Engineer (Buildings-II), Odisha, Bhubaneswar**

OIPR-34117/11/0074/2425

## ଜଳସମ୍ପଦ ବିଭାଗ, ଓଡ଼ିଶା ସରକାର

No.A-29:

**ଇ-ସଂଗ୍ରହଣ ବିଜ୍ଞପ୍ତି ସଂଖ୍ୟା: EE-DD-CTC-01/2025-26**

୧.କାର୍ଯ୍ୟର ନାମ : ମୋଟ ୦୨ (ଦୁଇ) ଗୋଟି ଜଳନିକାସ କାର୍ଯ୍ୟ ।
୨.ଅଟକଳ ମୂଲ୍ୟ: ୭୩.୫୧ ଲକ୍ଷ ଟଙ୍କା ଏବଂ ୮୩.୭୫ ଲକ୍ଷ ଟଙ୍କା ।
୩.କାର୍ଯ୍ୟ ସମ୍ପୂର୍ଣ୍ଣ କରିବା ଅବଧି : ୦୯ (ନଅ) ମାସ ।
୪.ପୋର୍ଟାଲରେ ନିଲାମ ଦସ୍ତାବେଜ ମିଳିବାର ଦିନ ଓ ସମୟ: ତା.୧୧.୦୪.୨୦୨୫ର ୧୧.୦୦ ଘଣ୍ଟାରୁ ତା.୨୫.୦୪.୨୦୨୫ର ୧୮.୦୦ ଘଣ୍ଟା ପର୍ଯ୍ୟନ୍ତ ।
୫.ପୋର୍ଟାଲରେ ନିଲାମ ଗ୍ରହଣ କରିବାର ଅନ୍ତିମ ଦିନ ଓ ସମୟ: ତା.୨୫.୦୪.୨୦୨୫ ର ୧୮.୦୦ ଘଣ୍ଟା ।
୬.ନିଲାମ ଡାକିଥିବା ଅଧିକାରୀଙ୍କ ନାମ ଓ ଠିକଣା : ନିର୍ବାହୀ ଯନ୍ତ୍ରୀ, ଜଳନିକାସ ବିଭାଜନ, କଟକ, ଠିକଣା: ଗଣ୍ଡରପୁର, କଟକ-୭୫୩୦୦୩; ଇ-ମେଲ୍:eeddcuttack@gmail.com

ଅଧିକ ବିବରଣୀ ପାଇଁ ଇ-ସଂଗ୍ରହଣ ପୋର୍ଟାଲ "https://tendersodisha.gov.in" ଦେଖା ଯାଇପାରିବ । ଆବଶ୍ୟକସ୍ଥଳେ ଉକ୍ତ ଟେଣ୍ଡର ସମ୍ପର୍କିତ ସମସ୍ତ ବିଜ୍ଞପ୍ତି, ସୂଚନା, ଶୁଦ୍ଧିପତ୍ର, ନାକଚ ବିଜ୍ଞପ୍ତି ଆଦି ଏହି ୱେବସାଇଟ୍‌ରେ ପ୍ରକାଶ କରାଯିବ ।

**ସ୍ୱା./-ନିର୍ବାହୀ ଯନ୍ତ୍ରୀ
ଜଳନିକାସ ବିଭାଜନ, କଟକ**

OIPR-32466/11/0003/2425

## OFFICE OF THE DISTRICT FISHERIES OFFICER, KAUSALYAGANGA

Email - dfo.kanga@gmail.com Phone : 0674-2465771
No. 323 /Date : 07.04.2025

**CORRIGENDUM NOTICE TO THE TENDER CALL NOTICE NO. -297/DATE-29.03.2025**

**PROCUREMENT OF LIVE FISH BROOD STOCK**

**No.M-02** : In pursuance to the Tender Call Notice No.-297 Dated-29.03.2025 the following corrections/modifications have been made.

| Originally Published as | Corrections / Modifications |
|---|---|
| Date of opening of the tender - 20th April 2025 at 3 P.M. | Date of opening of the tender - 21st April 2025 at 3 P.M. |
| Sl. No. - 1 The rate should be quoted **per / kg pieces wise and they** must certify the species / origin of breeder. | Sl. No. - 1 The rate should be quoted **per kg (Species wise) and the supplier** must certify the species and origin of breeder |
| Sl. No. - 2 The payment will be made after delivery of the **healthy** in desired condition | Sl. No. - 2 The payment will be made after delivery of the **healthy live brood fish** in desired condition |
| All other terms and conditions of the tender call notice shall remain unchanged | |

**Sd./- (B. P. Dwivedy)
District Fisheries Officer
Kausalyaganga**

OIPR-06040/11/0003/2425

## NATIONAL COMPETITIVE BIDDING THROUGH e-Procurement

Tel.No.06752222092, e-mail id- eerwpuri@gmail.com
No.O-32:

**TCN No.TENDER ONLINE-02 OF 2025-26**
**No.4307/ Dt.7.04.2025**

The Superintending Engineer, Rural Works Division, Puri on behalf of Government of Odisha invites percentage rate tenders through e-procurement for 2 Nos. of work for the year 2025-26 in the District of Puri. 1. Total no. of works:**2 nos.**, 2. Tender cost of packages: Amount varies from **Rs.71.64 lakhs**. 3. Class of Contractor: **As per DTCN**. 4. Period of completion: **5 (Five) Calendar Months**. 5. Period of availability of tenders on-line / Date and time of bidding on-line/ last date of seeking clarification/ Date of Opening of tender papers.

| Procurement Officer | Bid Identification No. | Availability of tender on-line for bidding | | Last date & time of seeking tender clarification | Date, time & venue of opening of tender | |
|---|---|---|---|---|---|---|
| | | From | To | | Technical Bid | Financial Bid |
| 1 | 2 | 3 | 4 | 5 | 6 | 7 |
| Superintending Engineer, Rural Works Division, Puri | Online-02 | 17.04.2025 at 11.00 A.M. | 30.04.2025 upto 5.00 P.M. | 29.04.2025 upto 01.30 P.M. | 01.05.2025 at 12.00 Noon Office of the S.E., R.W. Division, Puri | Will be intimated to qualified bidders through the website later |

6. Other details can be seen in the bidding documents, which is available in website "https://tendersodisha.gov.in."

OIPR-25065/11/0017/2425 **Sd./- Superintending Engineer, R.W.Division, Puri**

## OFFICE OF THE NOTIFIED AREA COUNCIL : KESINGA

No.1003 / NAC(K) Dated

**CORRIGENDUM TO SHORT QUOTATION CALL NOTICE NO. 882 DT.27.03.2025**

**No.C-59** : The last date of submission of quotation is here by extended up to 3.00 P.M. on 09.04.2025 and will be opened on the same day at 4.00 P.M. All other terms and condition remain unchanged.

**Sd./- Executive Officer
N.A.C., Kesinga**

OIPR-13109/11/0030/2425

## INSTITUTE ON MANAGEMENT OF AGRICULTURAL EXTENSION (IMAGE)

(AN AUTONOMOUS INSTITUTE OF GOVERNMENT OF ODISHA)
Siripur, Bhubaneswar-751003, Odisha
Ph.- (0674) 2974145, E-mail:imagebbsr@rediffmail.com
No.1641/IMAGE Dated: 09.04.2025

**RFP for "Selection of Event Management Agency for Organization of State Level Krushak Divas-2025"**

**No.CAD-74:**IMAGE invites RFP for **"Selection of Event Management Agency for Organization of State Level Krushak Divas-2025".** The detailed RFP document can be downloaded from the website www.agri.odisha.gov.in & https://image.odisha.gov.in from dt.09.04.2025. The last date for submitting the RFP documents alongwith Bid Processing Fees of Rs.5,000/- (Rupees Five Thousand) only in favour of Director, IMAGE payable at Bhubaneswar through Speed Post/ Registered Post/ Courier on or before dt.22.04.2025 upto 04.00 P.M. The Technical Bids will be opened on dt.23.04.2025 at 11.30 AM. The Financial Bids will be opened on dt.24.04.2025. IMAGE reserves the right to accept or reject any/ all proposals/ terminate the entire selection process at any stage without assigning any reason thereof.

OIPR-01408/11/0021/2425 **Sd./- DIRECTOR, IMAGE**

## idco | ODISHA NEW OPPORTUNITIES

Your power to grow — ISO 9001 & 14001 Corporation
No.CAD-76

## OFFICE OF THE CHIEF GENERAL MANAGER (P&C), IDCO, IDCO TOWERS, JANPATH, BHUBANESWAR-751022

**Tender Call Notice No.IDCO/H.O./P&C/ EST/E-1057/03/2024/ 10124, dated: 08.04.2025**

**NOTICE INVITING TENDER UNDER NATIONAL COMPETITIVE BIDDING THROUGH e-Procurement**

1. **Name of the Work:** Construction of RCC Drains with cover slab (infocity Road to Venkateswar School connecting to Sai Vihar) at Chandaka Industrial Estate, Bhubaneswar, Odisha.
2. **Value of the work:** Rs.44.32 Lakhs.
3. **Period of Completion:** 03 (Three) Calendar Months
4. **Other details :**

| Procurement Officer | Tender Reference No. | Availability of Tender Online for Bidding | |
|---|---|---|---|
| 1 | 2 | 3 | 4 |
| Chief General Manager (P&C), IDCO, IDCO Towers, Janpath, Bhubaneswar-751022 | P&C/ EST/E-49/ 2024-25 | 11.04.2025 at 17.00 Hrs. | 24.04.2025 upto 17.00 Hrs. |

Further details can be seen from the e-Procurement Portal, **www.tendersodisha.gov.in** and Corrigendum if any will not be published in newspapers and can only be seen in the e-Procurement portal **www.tendersodisha.gov.in** and **www.idco.in.**

**Sd./- Chief General Manager (P&C)
IDCO, Bhubaneswar**

OIPR-14003/11/0131/2425

## GOVERNMENT OF ODISHA OFFICE OF THE CHIEF CONSTRUCTION ENGINEER RURAL WORKS CIRCLE, SUNABEDA

No.O-30

e-mail: serwsbd2003@yahoo.com

No.1304 **1st Corrigendum** Dt:07.04.25

In continuation to this office Bid Identification No- CCERWCSBD Online-24/2024-25 invited vide this office Notice No.972, Dtd.17.03.2025, partial modification of TCN has been made as follows:-

| Sl. No. | Item | Time Schedule as per original TCN | Time Schedule as per Corrigendum Notice |
|---|---|---|---|
| 1 | Availability of Tender online for bidding | 26.03.2025 at 11.00 AM to 09.04.2025 upto 5.00 PM | Extended upto 17.04.2025, 5.00 PM |
| 2 | Date and Time of seeking tender clarification if any | 08.04.2025 upto 2.00 PM | 16.04.2025 upto 2.00 PM |
| 3 | Date & Time of opening of tender (Technical Bid) | 10.04.2025 at 11.00 AM | 19.04.2025 at 11.00 AM |
| 4 | Date & Time of opening of tender (Price Bid) | Will be intimated later on to the successful bidders | Will be intimated later on to the successful bidders |

All other terms and conditions will remain unaltered.

OIPR-25182/11/0050/2425 **Sd./- Chief Construction Engineer, Rural Works Circle, Sunabeda**

## OFFICE OF THE CHIEF CONSTRUCTION ENGINEER RURAL WORKS CIRCLE, BARIPADA

E_Mail ID: serwcbaripada@gmail.com, Ph.No-06792-261343/261344, Gangraj, Baripada

**"e" Procurement Notice for Road Work**
**Identification No.-Online Tender-Road N.C.B. No.373 for 2024-25**
**Letter No.1700/ Date 5.4.25**

**No.O-24:**Name of the Work: Post DLP Maintenance of PMGSY Road Works in the District of Mayurbhanj for the year 2024-25. 2. Total No. of Work: 01 No. (One). 3. Estimated Cost: Rs.110.80 Lakhs (approximately). 4. Eligible Class of Contractor: As per Annexure. 5. Period of Completion: As per Annexure. 6. Other details:-

| Procurement Officer | Bid Identification No. | Availability of tender On-line for bidding | | Last Date & Time of seeking Tender Clarification | Date & Time of Opening of Tender in O/O C.C.E., R.W. Circle, Baripada | |
|---|---|---|---|---|---|---|
| | | From | To | | Technical Bid | Financial Bid |
| 1 | 2 | 3 | 4 | 5 | 6 | 7 |
| Chief Construction Engineer, Rural Works Circle, Baripada | Road On-line N.C.B. No.373 | Dt.10.04.2025 at 11.00 A.M. | Dt.24.04.2025 upto 5.00 P.M. | Dt.23.04.2025 upto 5.00 P.M. | Dt.25.04.2025 at 11.00 A.M. | Will be intimated later |

- **Further details can be seen from the website: www.tendersodisha.gov.in.**
- **Any Corrigendum / Addendum will be displayed in the above e_tender website only.**

OIPR-25130/11/0026/2425 **Sd./-Chief Construction Engineer, R.W.Circle, Baripada**

## OFFICE OF THE ANGUL MUNICIPALITY, ANGUL

No.C-63

**e-Procurement Notice**
**Bid Identification No. - EO/RFP/AGLM-01/2025-26**
e-mail ID - angulmunicipality@gmail.com
**RFP Notice No. 1093 Date : 07.04.2025**

1. Name of the Project : Providing Consultancy Services for Preparation of comprehensive Drainage Master Plan and DPR for Storm Water Drainage System of Angul Municipality, in the District of Angul, Odisha
2. Period of contract : 06 (six) Calendar month

**Date and Time Schedule :**

| Start | End | Technical bid Opening |
|---|---|---|
| 11.00 A.M. on 09.04.2025 | 5.00 P.M. on 22.04.2025 | 11.30 A.M. on 23.04.2025 |

Tender details can be seen from the procurement portal : www.tendersodisha.gov.in

**Sd./- S.P. Tripathy
Executive Officer, Angul Municipality**

OIPR-13085/11/0030/2425

## ODISHA HYDRO POWER CORPORATION LTD

CIN: U40101OR1995SGC003963
(GOVERNMENT OF ODISHA UNDERTAKING)
**OFFICE OF THE GENERAL MANAGER (EL.)**
CHIPLIMA HYDRO ELECTRIC PROJECT, CHIPLIMA
At/PO – CHIPLIMA, VIA-C.A. CHIPLIMA – 768025, DIST-SAMBALPUR (ODISHA)
WEB: www.ohpcltd.com ☏ (0663) 2460661,
No.CAD-81: Email-hpschiplima@yahoo.in, Fax No. (0663) 2460505

**No.-CHEP/TW-112 (Part File)/1214 Date: 07.04.2025**

**TENDER CALL NOTICE NO.-CHEP-02/2025-26**

Sealed tenders are invited in two parts i.e. (i) Techno Commercial Bid & (ii) Price Bid in separate sealed envelopes for below mentioned work from the Reputed Firms / Agencies having valid Firm's Registration Certificate and Experience in similar nature of works.

| Description | Cost of Tender Paper (Non-Refundable) | Estimated Cost / EMD (Refundable) |
|---|---|---|
| Repair & Replacement of damaged Roller Bearing of Gate No.2 & 6 of Head Regulator, CHEP, Chiplima | Rs.708.00 (Rs.600.00 + GST@18%) | Rs.1,33,062.00 / EMD = Rs.1,350.00 |

For details of Schedule of Dates, Tender Documents, Terms & Conditions and Corrigendum, please visit our website www.ohpcltd.com **from dtd.10.04.2025 up to 10:30 AM of dtd.23.04.2025.**

OIPR-04006/11/0070/2425 **Sd/- C & P Head, CHEP, Chiplima**

## Government of Odisha Office of the Superintending Engineer, Rural Works Division-II, Dhenkanal Kamakhyanagar

No.O-20

E-Mail : rw.kamakhyanagar@yahoo.co.in

**e-procurement Notice No. 01 / Building Work / 2025-26**

| | | | |
|---|---|---|---|
| 1 | Name of the work | : | Building Work |
| 2 | Total No. of Works | : | 04 (Four) Nos. |
| 3 | Tender Cost | : | Rs. 5.67 to 27.00 lakhs (approx) |
| 4 | Class of Contractor | : | "C" & "B" Class |
| 5 | Period of Completion | : | 6 calendar months |
| 6 | Availability of Tender online for bidding | : | 11.04.2025 at 11.00 A.M. to 22.04.2025 up to 5.00 P.M. |
| 7 | Last Date & Time of seeking tender clarification | : | 21.04.2025 upto 4.00 P.M. |
| 8 | Date & Time of opening of Bid | : | 23.04.2025 at 11.00 A.M. |

Other Details can be seen from the website http://tendersorissa.gov.in.

**Sd./- Superintending Engineer
R.W. Division-II, Dhenkanal
Kamakhyanagar**

OIPR-25094/11/0023/2425

## ODISHA HYDRO POWER CORPORATION LTD

CIN: U40101OR1995SGC003963
(GOVERNMENT OF ODISHA UNDERTAKING)
**OFFICE OF THE GENERAL MANAGER (EL.)**
CHIPLIMA HYDRO ELECTRIC PROJECT, CHIPLIMA
At/PO – CHIPLIMA, VIA-C.A. CHIPLIMA – 768025, DIST-SAMBALPUR (ODISHA)
WEB: www.ohpcltd.com ☏ (0663) 2460661,
No.CAD-80: Email-hpschiplima@yahoo.in, Fax No. (0663) 2460505

**No.-CHEP/TW-156 (Vol.-X)/1253 Date: 08.04.2025**

**TENDER CALL NOTICE NO.-CHEP-03/2025-26**

Sealed tenders are invited in two parts i.e. (i) Techno Commercial Bid & (ii) Price Bid in separate sealed envelopes from the eligible bidders dealing with Trash Rack Cleaning Machine with Hydraulic operated Telescopic Boom for the following work;

| Description | Cost of Tender Paper (Non-Refundable) | Estimated Cost / EMD (Refundable) |
|---|---|---|
| Annual Operation & Maintenance Contract of GMW Make Trash Rack Cleaning Machine installed at CHEP, Chiplima | Rs.11,800/- (Rs.10,000/- + GST @18%) | Rs.65,43,073/- EMD=Rs.65,450/- |

For details of Schedule of Dates, Tender Documents, Terms & Conditions and Corrigendum, please visit our website www.ohpcltd.com **from dtd.11.04.2025 up to 10:30 AM of dtd.22.04.2025.**

OIPR-04006/11/0071/2425 **Sd/- C & P Head, CHEP, Chiplima**

## GOVERNMENT OF ODISHA, DEPARTMENT OF WATER RESOURCES OFFICE OF THE ADDITIONAL CHIEF ENGINEER,CENTRAL IRRIGATION CIRCLE,BHUBANESWAR

No.A-28:

**'e' Procurement Notice No. ACECIC-01/2025-26**

| Procurement Officer | Bid Identification No. | Name of Work | Cost of Work (Rs.in Lakhs) | Bid Security (Rs.) E.M.D. | Cost of Bid documents (Rs.) | Class of Contractor | Bid documents available online for bidding | | Date of opening of Technical Bid | Period of Completion of work |
|---|---|---|---|---|---|---|---|---|---|---|
| | | | | | | | From | To | | |
| ACE, CIC, Bhubaneswar | NGR-01/ 2025-26 | Cement Concrete Lining in Right Distributary of Kuanria Irrigation Project from RD. 11.00 Km to 18.20 Km) | 834.63 | 834700/- Online | 10000/- (Online) | "A" & "Special" Class | 11.04.2025 At 10.00 Hours | 25.04.2025 At 17.00 Hours | 28.04.2025 At 11.00 Hours | 18 (Eighteen Calendar Months) |

**e-mail Id:secic_dowr@yahoo.com.**
**Further details conditions can be seen from Govt. website www.tenderorissa.gov.in.**

OIPR-32160/11/0025/2425 **Sd./- Additional Chief Engineer, Central Irrigation Circle**

**ଜନ୍ମଦିନର ଶୁଭେଚ୍ଛା**
ନାମ: ..........................................
ବୟସ:..........................................
ଜନ୍ମ ତାରିଖ: ..................................
ଶୁନ୍‌ଶୁନ୍ ପରିବାରବର୍ଗ
ଏଠାରେ ୨ X ୨ ସେ.ମି. ଫଟୋ ଲଗାନ୍ତୁ
ସର୍ତ୍ତାବଳୀ: ଏହି କୁପନ ବ୍ୟବହାର କରି ଶିଶୁଙ୍କ ମାଗଣାରେ ଜନ୍ମଦିନର ଶୁଭେଚ୍ଛା ଜଣାନ୍ତୁ। ଫଟୋଗ୍ରାଫ ସହିତ କୁପନଟି ପ୍ରକାଶନ ତାରିଖର ୭ ଦିନ ପୂର୍ବରୁ ଜନ୍ମଦିନ ଶୁଭେଚ୍ଛା, ଧରିତ୍ରୀ, ବି-୨୬, ଇଣ୍ଡଷ୍ଟ୍ରିଆଲ ଏଷ୍ଟେଟ, ଭୁବନେଶ୍ୱର-୧୦ ଠିକଣାରେ ପଠାଇବା ଆବଶ୍ୟକ।

# ୨୦୩୦ ରାଜ୍ୟଗୋଷ୍ଠୀ କ୍ରୀଡ଼ା ଆୟୋଜନ ଅଧିକାର ଭାରତକୁ ମିଳିବ

**ନୂଆଦିଲ୍ଲୀ,୧୦।୪(ପି.ଟି.)**

୨୦୩୦ ରାଜ୍ୟଗୋଷ୍ଠୀ କ୍ରୀଡ଼ା ଆୟୋଜନ ଅଧିକାର ଭାରତକୁ ମିଳିବ। ଏହି ଇଭେଣ୍ଟ ଆୟୋଜନ ଲାଗି କାନାଡା ଓ ନାଇଜେରିଆ ଇଚ୍ଛା ପ୍ରକଟ କରୁଥିବା ସତ୍ତ୍ୱେ କେନ୍ଦ୍ର କ୍ରୀଡ଼ାମନ୍ତ୍ରୀ ମନସୁଖ ମାଣ୍ଡବ୍ୟ ଗୁରୁବାର ଏଭଳି ଦୃଢ଼ୋକ୍ତି ଦେଇଛନ୍ତି। ମାର୍ଚ୍ଚ ୩୧ ତାରିଖ ସମୟସୀମା ମଧ୍ୟରେ ଉଭୟ କାନାଡା ଓ ନାଇଜେରିଆ ଏକ୍ସପ୍ରେସନ ଅଫ ଇଣ୍ଟରେଷ୍ଟ (ଇଓଆଇ) ଦାଖଲ କରିଛନ୍ତି। ମୋତେ ସୂଚନା ମିଳିଛି ଯେ, କାନାଡା ଓ ନାଇଜେରିଆ ଇଚ୍ଛା ପ୍ରକଟ କରିଛନ୍ତି। କିନ୍ତୁ ଆମେ ନିଶ୍ଚିତ ଯେ, ଭାରତକୁ ୨୦୩୦ ରାଜ୍ୟଗୋଷ୍ଠୀ କ୍ରୀଡ଼ା ଆୟୋଜନ ଅଧିକାର ମିଳିବ। ଯଦି ଭାରତକୁ ୨୦୩୦ ରାଜ୍ୟଗୋଷ୍ଠୀ କ୍ରୀଡ଼ା ଆୟୋଜନ ଅଧିକାର ମିଳେ, ତେବେ ଆମେ ୨୦୩୬ ଅଲିମ୍ପିକ୍ସ ଆୟୋଜନ ଲାଗି ଦକ୍ଷ ବୋଲି ପ୍ରଦର୍ଶିତ କରିପାରିବୁ। ଏ ସଂକ୍ରାନ୍ତରେ ଅନ୍ତର୍ଜାତୀୟ ଅଲିମ୍ପିକ୍ କମିଟି (ଆଇଓସି) ସହ ପରାମର୍ଶ ଚାଲିଛି। ଜୁନ୍‌ରେ ନୂଆ ଆଇଓସି ସଭାପତି କ୍ରିଷ୍ଟି କୋଭେଣ୍ଟ୍ରି ଦାୟିତ୍ୱ ନେଲା ପରେ ଭାରତ ତା'ର ଯୋଜନାକୁ ପ୍ରଦର୍ଶିତ କରିବାକୁ ପ୍ରସ୍ତୁତ ବୋଲି ମାଣ୍ଡବ୍ୟ କହିଛନ୍ତି। ଆସନ୍ତା ବର୍ଷ ହେବାକୁ ଥିବା ରାଜ୍ୟଗୋଷ୍ଠୀ କ୍ରୀଡ଼ା ଅଷ୍ଟ୍ରେଲିଆର ଭିକ୍ଟୋରିଆ ବଦଳରେ ଗ୍ଲାସଗୋରେ ହେବ। ଆୟୋଜନ ଲାଗି ଖର୍ଚ୍ଚ ବୃଦ୍ଧି ପାଉଥିବାରୁ ଭିକ୍ଟୋରିଆ ଆୟୋଜନରୁ ପଛଘୁଞ୍ଚା ଦେଇଛି। ଏଥିଯୋଗୁ ପରବର୍ତ୍ତୀ ସଂସ୍କରଣ ଗ୍ଲାସଗୋରେ ହେବ ଏବଂ ଏଥିରୁ କୁସ୍ତି, ସୁଟିଂ, ହକି, କ୍ରିକେଟ, ବ୍ୟାଡ୍‌ମିଣ୍ଟନ ଓ ଶୁଟିଂ ଆଦି ଇଭେଣ୍ଟକୁ ବାଦ ଦିଆଯାଇଛି।

# ଓଡ଼ିଶାକୁ ୬ ପଦକ



ପଦକ ବିଜେତା ଓଡ଼ିଶା ଦଳ।

**ଭୁବନେଶ୍ୱର,୧୦।୪(ଅନାଦି କର)**

**ସିନିୟର ଅସ୍ମିତା ଖେଲୋ ଇଣ୍ଡିଆ ପେଞ୍ଚକ ସିଲାଟ ଚାମ୍ପିୟନଶିପ୍**

ଜମ୍ମୁ-କାଶ୍ମୀରର ଶ୍ରୀନଗରଠାରେ ଚାଲିଥିବା ସିନିୟର ଅସ୍ମିତା ଖେଲୋ ଇଣ୍ଡିଆ ପେଞ୍ଚକ ସିଲାଟ ଚାମ୍ପିୟନଶିପରେ ଓଡ଼ିଶା ଆଥଲେଟମାନେ ୬ ପଦକ ଜିତିଛନ୍ତି। ପଦକ ତାଲିକାରେ ୧ ରୌପ୍ୟ ଓ ୫ ବ୍ରୋଞ୍ଜ ପଦକ ରହିଛି। ଓଡ଼ିଶା ଦଳର କୋଚ ରାହୁଲ ସା'ଙ୍କ ତତ୍ତ୍ୱାବଧାନରେ ୧୮ ଜଣ ଓଡ଼ିଆ ଆଥଲେଟ ଏହି ପ୍ରତିଯୋଗିତାରେ ଭାଗ ନେଇଥିଲେ। ଟାଣ୍ଡିଂ ଇଭେଣ୍ଟରେ ୭୦ରୁ ୭୫ କେଜି ଓଜନ ବର୍ଗରେ ଖୋର୍ଦ୍ଧାର ପ୍ରିଞ୍ଜାଲିନ ତରାଇ (କ୍ଲାସ ଏଫ୍) ରୌପ୍ୟ ପଦକ ଜିତିଥିବାବେଳେ ୭୦ରୁ ୭୫ କେଜି ବର୍ଗରେ ମୟୂରଭଞ୍ଜର ଗାୟତ୍ରୀ ବଡ଼ା (କ୍ଲାସ ଡି) ଓ ୭୫ରୁ ୮୦ କେଜି ବର୍ଗରେ ସମ୍ବଲପୁରର ପାୟଲ ଡାଣ୍ଡି (କ୍ଲାସ ଜି) ବ୍ରୋଞ୍ଜ ପଦକ ଜିତିଛନ୍ତି। ସେହିଭଳି ସୋଲୋ ଇଭେଣ୍ଟରେ ଝାରସୁଗୁଡ଼ାର ତାନ୍ୟା ଠାକୁର, ଗାଣ୍ଡା ଇଭେଣ୍ଟରେ ମୟୂରଭଞ୍ଜର ଉମାବତୀ ପାତ୍ର ଓ ଝାରସୁଗୁଡ଼ାର ଲିଲାବତୀ ରଣା ବ୍ରୋଞ୍ଜ ପଦକ ହାତେଇଛନ୍ତି। ପ୍ରତିଯୋଗିତାରେ ସୁଚାରୁରୂପେ ରେଫ୍ରିଶିପ ତୁଲାଇଥିବାରୁ ପ୍ରେମ ସିଂ ଥାପାଙ୍କୁ ସାଇ ଓ ଖେଲୋ ଇଣ୍ଡିଆ ପକ୍ଷରୁ ସମ୍ମାନିତ କରାଯାଇଥିଲା। କୃତୀ ପ୍ରତିଯୋଗୀଙ୍କୁ ଓଡ଼ିଶାର ସଭାପତି ତାପସ କୁମାର ରାୟ ଚୌଧୁରୀ, ଉପସଭାପତି ମନୋରଞ୍ଜନ ଭଞ୍ଜ, ଅରବିନ୍ଦ ବାରିକ, ସାଧାରଣ ସମ୍ପାଦକ ଗୁରୁ ପ୍ରେମ ସିଂ ଥାପା, ବ୍ୟକ୍ତିଗତ ଉପଦେଷ୍ଟା ସୁମନ ମୋଦି ଓ ପେଞ୍ଚକ ସିଲାଟ ଆସୋସିଏସନ ଖୋର୍ଦ୍ଧାର ସମ୍ପାଦକ ଡିଡେନ୍ଦ୍ର କୁମାର ରାଉତ ଅଭିନନ୍ଦନ ଜଣାଇଛନ୍ତି।

# ସିଆଇଏସ୍‌ଏଫ୍, ବିଏସ୍‌ଏଫ୍, ସିଆର୍‌ପିଏଫ୍, ମଣିପୁର ବିଜୟୀ

**ଭୁବନେଶ୍ୱର,୧୦।୪ (ଅନାଦି କର)**

**ସର୍ବଭାରତୀୟ ପୋଲିସ ହକି ଚାମ୍ପିୟନଶିପ୍**


କଳିଙ୍ଗ ଷ୍ଟାଡିୟମରେ ଚାଲିଥିବା ୭୩ତମ ସର୍ବଭାରତୀୟ ପୋଲିସ ହକି ଚାମ୍ପିୟନଶିପରେ ଗୁରୁବାର ଖେଳାଯାଇଥିବା ଭିନ୍ନ ଭିନ୍ନ ମ୍ୟାଚରେ ସିଆଇଏସ୍‌ଏଫ୍, ବିଏସ୍‌ଏଫ୍, ସିଆର୍‌ପିଏଫ୍ ଓ ମଣିପୁର ବିଜୟୀ ହୋଇଛନ୍ତି। ଆଜିର ପ୍ରଥମ ମ୍ୟାଚରେ ସିଆଇଏସ୍‌ଏଫ୍ ୩-୨ ଗୋଲରେ ଏସ୍‌ଏସ୍‌ବିକୁ ପରାସ୍ତ କରିଥିଲା। ଦ୍ୱିତୀୟ ମ୍ୟାଚରେ ବିଏସ୍‌ଏଫ୍ ୬-୦ ଗୋଲରେ କେରଳ ପୋଲିସକୁ ହରାଇଥିଲା। ତୃତୀୟ ମ୍ୟାଚ ସିଆର୍‌ପିଏଫ୍ ଓ ତାମିଲନାଡୁ ପୋଲିସ ମଧ୍ୟରେ ଖେଳାଯାଇଥିଲା। ଏହି ମ୍ୟାଚରେ ସିଆର୍‌ପିଏଫ୍ ୫-୨ ଗୋଲରେ ବିଜୟୀ ହୋଇଥିଲା। ଚତୁର୍ଥ ମ୍ୟାଚରେ ମଣିପୁର ପୋଲିସ ୪-୨ ଗୋଲରେ ପଶ୍ଚିମବଙ୍ଗ ପୋଲିସକୁ ହରାଇଥିଲା। ଖେଳ ବିଭାଗର ନିର୍ଦ୍ଦେଶକ ଦୀପଙ୍କର ମହାପାତ୍ର, ମୃତ୍ତିକା ସଂରକ୍ଷଣ ଓ ଜଳ ବିଭାଜିକା ଉନ୍ନୟନ ନିର୍ଦ୍ଦେଶକ ନିଖିଲ ପବନ କଲ୍ୟାଣ, ଡିଆଇଜି (କ୍ରାଇମବ୍ରାଞ୍ଚ) ବାବୁଲା ଗଙ୍ଗାଧର, ରେଳବାଇ (କଟକ) ଏସ୍‌ପି ବିବେକାନନ୍ଦ ଶର୍ମା ପ୍ରମୁଖ ବିଭିନ୍ନ ମ୍ୟାଚରେ ଅତିଥି ଭାବେ ଯୋଗଦେଇଥିଲେ।

# ପୂର୍ବତନ ବାସ୍କେଟବଲ ଅଧିନାୟକଙ୍କ ପରଲୋକ

**ପିଥୋରାଗଡ଼,୧୦।୪ (ପି.ଟି.)**

ବିଶିଷ୍ଟ ବାସ୍କେଟବଲ ଖେଳାଳି ତଥା ଭାରତୀୟ ଦଳର ପୂର୍ବତନ ଅଧିନାୟକ ହରିଦତ୍ତ କାପ୍ରିଙ୍କର ୮୩ ବର୍ଷ ବୟସରେ ତାଙ୍କ ନିଜସ୍ୱ ବାସଭବନରେ ପରଲୋକ ଘଟିଛି। ସେ ତାଙ୍କର ସ୍ତ୍ରୀ ଓ ଦୁଇ ପୁତ୍ରସନ୍ତାନଙ୍କୁ ଛାଡ଼ି ଚାଲିଯାଇଛନ୍ତି। କାପ୍ରି ୧୯୬୯ରେ ଅର୍ଜୁନ ପୁରସ୍କାରରେ ସମ୍ମାନିତ ହୋଇଥିଲେ। ତାଙ୍କ ନେତୃତ୍ୱରେ ୧୯୬୯ରେ ଭାରତୀୟ ବାସ୍କେଟବଲ ଦଳ ଏସିଆରେ ୭ମରୁ ୪ର୍ଥ ସ୍ଥାନକୁ ଉନ୍ନୀତ ହୋଇପାରିଥିଲେ। ତାଙ୍କ ଅଧିନାୟକତ୍ୱରେ ଭାରତ ୧୯୬୫ରୁ ୧୦୭୮ ମଧ୍ୟରେ ସିରିଜ କ୍ରମାଗତ ବିଜୟ ଲାଭ କରିଥିଲା। ଉତ୍ତରାଖଣ୍ଡ ସରକାରଙ୍କ ଦ୍ୱାରା ସେ ଲାଇଫ୍ ଟାଇମ୍ ଆଚିଭମେଣ୍ଟ ପୁରସ୍କାରରେ ସମ୍ମାନିତ ହୋଇଥିଲେ।

**Classified Everyday**
**0674-2580101, 9692975378**



**AUTOMOBILE SALE**

For Sale Innova Crysta, Landrover, Dezire, Hondacity, Mercedes, Fortuner Ertiga CNG for details contact: 7381091234, 7077731532. D-76254



**REAL ESTATE SALE**

**Gharabari plot with compoundwall 52x40 2080sft. at lowest price 7K.M. from NAKHARA, 12K.M. from BHUBANESWAR also instalment basis (middle of CTC & BBSR) no interest. 7809525452.** D-76439



Kerala Ayurveda Massage therapy gents/ Ladies pain relief Bhubaneswar. 9337672475. D-033

Positively health benefited SPA by expert female therapist. 9114559860. D-76907

Newly open Jyoti SPA positively health benefits (Expert therapist). 8458067955. D-76908

Positivelyhealthbenefited spa by expert female therapist, Bapujinagar. 8018429809 D-76906

**AFFIDAVIT**

By virtue of an affidavit CF No.-582, dated 10.4.2025 sworn before the Executive Magistrate, Kuchinda, I, Ashman Patel, Mob No.6370777415, R/o. Village- K.Jamankira, P.S.- Mahulpali, Dist.- Sambalpur, Odisha, PIN- 768227 declare that I have changed my name from Ashman Kumar Patel to Ashman Patel. Now onwards I shall be known as Ashman Patel for all future purposes. D-123

By virtue of an affidavit sworn before the Executive Magistrate, Dharmasala, dated- 08.04.2025, Indramani Malik, At- Pratappur, P.O.- Neulpur, P.S.- Dharmasala, Dist.- Jajpur, PIN- 755024, Odisha declare that I have changed my son name from Paritis Mallik to Pratyush Malik. Henceforth, he shall be known as Pratyush Malik for all future purposes. Indramani Malik. D-119

ମୁଁ, ଭଗବାନ ପାତ୍ର, ପି- ସ୍ୱର୍ଗତ ହାଡ଼ିବନ୍ଧୁ ପାତ୍ର, ଜାତି କୁମ୍ଭୀ, ସା/ପୋ- ରଙ୍ଗଣୀପାଟଣା, ଥାନା- ଓଡ଼ଗାଁ, ଜିଲ୍ଲା- ନୟାଗଡ଼, ଏକ୍‌ଜିକ୍ୟୁଟିଭ୍ ମାଜିଷ୍ଟ୍ରେଟ୍ ଓଡ଼ଗାଁଙ୍କ ନିକଟରେ ସତ୍ୟପାଠ ଦ୍ୱାରା ଜଣାଉଛି ଯେ, ୩୧।୧୨।୧୯୮୩ ତାରିଖଠାରୁ ମୋ ଆଈ ମୋତେ ପୋଷ୍ୟ ସନ୍ତାନ ଭାବେ ଗ୍ରହଣ କରିଥିବାରୁ ସେହିଦିନଠାରୁ ମୋର ନାମ ଭଗବାନ ସୁବୁଦ୍ଧି, ପି-କାଶୀନାଥ ସୁବୁଦ୍ଧି, ମାତା-ରୂପା ସୁବୁଦ୍ଧିଙ୍କର ପୁତ୍ର ରୂପେ ବିବେଚିତ ହୋଇ ଆସୁଛି। ବର୍ତ୍ତମାନ ଏହି ଘୋଷଣାନାମା ପ୍ରକାଶ କରୁଛି କି, ମୋର ନାମ ଭଗବାନ ପାତ୍ର, ପିତା- ହାଡ଼ିବନ୍ଧୁ ପାତ୍ର ବଦଳରେ ସର୍ବତ୍ର ଭଗବାନ ସୁବୁଦ୍ଧି, ପିତା- କାଶୀନାଥ ସୁବୁଦ୍ଧି, ମାତା ରୂପା ସୁବୁଦ୍ଧି ରୂପେ ବିବେଚିତ ହୋଇ ମୋର ନାମ ଭଗବାନ ସୁବୁଦ୍ଧି ସ୍ୱାକ୍ଷର କରୁଅଛି। ଧ-୧୨୬

I, Benar Patra, R/o. Village- Dhekunkupa, P.O.- Nunpur, P.S.- M. Rampur, Dist.- Kalahandi declare by this affidavit No.- 2025, dated 09.04.25 that I have changed my daughter's name from Mancini Patra to Nandini Patra. Now onwards she shall be known as Nandini Patra for all future purposes. D-114

I, Neemisha Rani Nanda, D/o- Basanta Nanda, R/o. At- Chandrapur, P.O.- Jarasingha, P.S.- Deogaon, Dist.- Balangir, Odisha, PIN- 767067 declare by this affidavit No. 2413, dated 03.03.25 that I have changed my name from Nimisarani Nanda to Neemisha Rani Nanda. Now onwards I shall be known as Neemisha Rani Nanda for all future purposes. D-113

By virtue of an affidavit sworn before the Executive Magistrate, Dhenkanal, dated- 07.04.2025, I, Swarnalata Sahoo, Address: At-Deogaon, P.O.-Kapilash, P.S.- Gondia, Dist.-Dhenkanal, PIN-759016, declare that I have changed my name from Swarnalata Mohapatra to Swarnalata Sahoo. Henceforth, I shall be known as Swarnalata Sahoo for all future Purposes. D-76810

By virtue of an affidavit sworn before Executive Magistrate, Bhubaneswar, date 09.04.2025, I, Rajakishor Srichandan, Address: At/P.O.- Mendhasal, P.S.- Chandaka, Dist.- Khurdha, declare that I have changed my daughter's name from DIBYASHREE SRICHANDAN to DIVYASHREE PRIYADARSHINI. Henceforth, she shall be known as DIVYASHREE PRIYADARSHINI for all purposes.
Rajakishor Srichandan D-89

By virtue of an affidavit sworn before Executive Magistrate, Bhubaneswar, date 07.04.2025, I, Tapas Kumar Mallik, Address: At/P.O.- Kuanarpur, P.O.- Bhera, P.S.- Salipur, Dist.- Cuttack, declare that I have changed my daughter's name from Krishan Priyadarshini Mallik to Sudeshna Priyadarshinee. Henceforth, she shall be known as Sudeshna Priyadarshinee for all purposes.
Tapas Kumar Mallik D-116

By virtue of an affidavit sworn before Executive Magistrate, Puri, dated 02.04.2025, I, Srimati Swain, At- Basukera, P.O.- Sakhigopal, P.S.- Satyabadi, Dist.- Puri, PIN-752014, declare that I have changed my name from Swarnalata Dei to Srimati Swain. Henceforth, I shall be known as Srimati Swain for all purposes.
Srimati Swain D-117

By this affidavit sworn before the Notary Public, Birmaharajpur, I, Rusudh Samal, R/o. Village- Kardapal, P.O.- Mursundhi, P.S.- Birmaharajpur, Dist.- Subarnapur declare that in Aadhaar Card bearing No.xxxx xxxx 9541 my son's name has been wrongly mentioned as Maheswar Samal, S/o- Rushadha Samal instead of Pritam Samal, S/o- Rusudh Samal. Now I have changed his name to Pritam Samal, S/o- Rusudh Samal for all future purposes. D-124

**Email** ମାଧ୍ୟମରେ କ୍ଲାସିଫାଏଡ଼କୁ ବିଜ୍ଞାପନ ପଠାଇବାର ଠିକଣା:- classifieddharitri@gmail.com

I, Biswajit Barpanda, S/o-Narasingh Barpanda, aged about 54 years, R/o-Matru Vihar, Danipali Near Sai Mandir, P.O.-Budharaja, P.S.-Ainthapali, Dist.- Sambalpur-768004, in the State of Odisha, solemnly declare that I have Changed my Name as Biswajit Badpanda vide affidavit No.- 16AA 549329 before the Notary Sambalpur, dated- 03.03.2025. Now onwards I shall be known as Biswajit Badpanda for all future purpose. D-122

Before the Notary Public, Athagarh, I, Biswabhusan Barik, aged about 46 years, S/o- Late Brajasundar Barik, At- Champapur, P.O.- Mahakalabasta, P.S.- Khuntuni, Dist.- Cuttack hereby declare that the power of Attorney holder namely Pabitra Mohan Sahu and Biswaranjan Barik Vide e-registration document No.- 40402301450 on dated- 03.05.2023, before the SRO, Athagarh has been cancelled/ revoked as per deed of revocation of power of Attorney vide e- registration document No.- 40402500643, dated- 27.03.2025. Athagarh date- 07.04.2025
Biswabhusan Barik D-126

I, Kalpana Manjari Singh, W/o- Akshaya Kumar Swain, resident of Plot No.-18, Sai Nivas, Near NH, Indira Housing Colony, P.O.- Old Town, P.S.-Sri Lingaraj, Bhubaneswar, Dist.- Khordha, PIN-751002, Odisha declare by this affidavit No.- C.F./92 dtd. 07.04.2025 that now onwards I shall be known as Kalpana Swain for all future purposes. D-76440

I, Anjela Dhanwar, aged about 34 years, W/o- Late Sachin Dhanwar, resident of Village-Junani, P.O.- Rangiatikra, P.S.- Govindpur, Dist.- Sambalpur, Odisha do hereby Solemnly affirm and declare as under- I have Aadhaar Card vide No.-XXXX XXXX 8415 in which my name has been wrongly mentioned as Anjali Dhanwar.That Anjela Dhanwar and Anjali Dhanwar denotes to one and same person, i,e myself.
Anjela Dhanwar D-127

Your Classified Advertisement published in Dharitri will be listed free in Dharitri Online Edition: dharitriepaper.in

ଧରିତ୍ରୀ DHARITRI
**Scan & Pay**
ଧରିତ୍ରୀ କ୍ଲାସିଫାଏଡ୍ ବିଜ୍ଞାପନ ବାବଦର ପେମେଣ୍ଟ ନିମ୍ନପ୍ରଦତ୍ତ QR Code ସ୍କାନ୍ କରି ଯେକୌଣସି UPI App ମାଧ୍ୟମରେ ସହଜରେ ପେଠ କରନ୍ତୁ।
BHIM UPI
ପେମେଣ୍ଟ ପରେ ରସିଦ୍‌ର Screenshot କୁ classifieddharitri@gmail.com ରେ ଇମେଲ୍ କରନ୍ତୁ।

**ମନେ ପଡ଼ନ୍ତି**

**ଏକାଦଶାହ ଉପଲକ୍ଷେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି**



**ଏଧୋଉବୁଣି ନାହାକ**
ଆବିର୍ଭାବ: ୦୧।୦୧।୧୯୪୫
ତିରୋଧାନ: ୦୧।୦୪।୨୦୨୫
ତୁମର ସ୍ନେହ, ଶ୍ରଦ୍ଧା, ଉପଦେଶ ଆମମାନଙ୍କ ଜୀବନରେ ପାଥେୟ ହେଉ। ତୁମ ଅମର ଆତ୍ମାର ସଦ୍‌ଗତି ନିମନ୍ତେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ବିନମ୍ର ପ୍ରାର୍ଥନା କରୁଛୁ।
ଶୋକସନ୍ତପ୍ତ: ହଡ଼ଗାଗା/ହଡ଼ଗାଜିନ୍ନି: ତିଲୋତ୍ତମ ନାହାକ, ତପସ୍ୱିନୀ ନାହାକ, ଭାଗବତ ନାହାକ, ସାବିତ୍ରୀ ନାହାକ, ଦେବକୀ ନାହାକ, ସମାପ୍ତି ନାହାକ, ବନ୍ଧୁ ଓ ପରିଜନବର୍ଗ
ଧ-୧୧୨

**2nd Death Anniversary**
**In Treasured Memory of**



**NARENDRA PRASAD DAS**
**18.10.1936 to 11.04.2023**
"Baba" – We continue to love you every moment of our lives. Your presence surrounds us and your love is still our guide. With each passing day, we fondly recall the moments shared, finding solace in the enduring love you bestowed upon us. We miss you…
**Fondly Remembered by:**
**Arihant, Abhijat, Nirali, Biswajit (Tutu), Mamata, Niyati, Family & Friends.**
ଧ-୧୧୮

**ପାଠକଙ୍କ ପାଇଁ ସୂଚନା**
କ୍ଲାସିଫାଏଡରେ ପ୍ରକାଶିତ କେତେକ ବିଜ୍ଞାପନକୁ ଭିତ୍ତିକରି କିଛି ପାଠକ ଠକାମିର ଶିକାର ହେଉଥିବା ଆମର ଦୃଷ୍ଟିଗୋଚର ହେଉଛି। ବିଜ୍ଞାପନ ଦେଉଥିବା ସଂସ୍ଥାମାନଙ୍କ ସହ କାରବାର କରିବା ପୂର୍ବରୁ ସବିଶେଷ ତଥ୍ୟ ଓ ନିଜର ବିବେକ ଖଟାଇ କାରବାର କରନ୍ତୁ। ଏଥିପାଇଁ ଧରିତ୍ରୀ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ।

## ସଂକ୍ଷେପରେ

### ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ

**ଖଡ଼ିଆଳ,୧୦।୪ (ସୁଜିତ କୁମାର ପ୍ରଧାନ):** ନୂଆପଡ଼ା ଜିଲା ଖଡ଼ିଆଳ ବ୍ଲକ୍ ଲୋହରାପାଲି ସରକାରୀ ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ପ୍ରଧାନ ଶିକ୍ଷକ ବିଜୟ ସାହୁଙ୍କ ଅଧ୍ୟକ୍ଷତାରେ ଖଡ଼ିଆଳ ବଣିକ ସଂଘ ସଭାପତି ରଶ୍ମିରଞ୍ଜନ ଚଲାନ ମୁଖ୍ୟ ଅତିଥି, କବି ଆଦିତ୍ୟ ନାରାୟଣ ପଣ୍ଡା ମୁଖ୍ୟବକ୍ତା ଓ ବିଇଓ କାହ୍ନୁ ଚରଣ ନାଏକ, ଜିଲା କ୍ରୀଡ଼ା ଅଧିକାରୀ ମହେଶ କୁମାର ଦଣ୍ଡସେନା, ଖବରଦାତା କୁନୁ କରୁଆଁ ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଛାତ୍ରୀଛାତ୍ରଙ୍କୁ ଉତ୍ସାହିତ କରିଥିଲେ। ଶିକ୍ଷକ ଜିତେନ୍ଦ୍ର ଦଣ୍ଡସେନା ବାର୍ଷିକ ବିବରଣୀ ପଠନ କରିଥିଲେ। ପରେ ବିଭିନ୍ନ ବିଭାଗରେ ପାରଦର୍ଶିତା ଲାଭ କରିଥିବା ଛାତ୍ରୀଛାତ୍ରଙ୍କୁ ଅତିଥି ପୁରସ୍କୃତ କରିଥିଲେ। ପରେ ପିଲାମାନେ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ। ଶିକ୍ଷୟିତ୍ରୀ ଆରତି କୁଣ୍ଡ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

### ଡିଗ୍ରୀ ମହାବିଦ୍ୟାଳୟରେ ରକ୍ତଦାନ ଶିବିର

**ତୁଣ୍ଡଲା,୧୦।୪(ଫିରୋଜ କୁମାର ଦାଶ):** କଳାହାଣ୍ଡି ଜିଲ୍ଲା କେସିଙ୍ଗା ବ୍ଲକ ବେଲଖଣ୍ଡି ପଞ୍ଚାୟତ ଡିଗ୍ରୀ ମହାବିଦ୍ୟାଳୟରେ ଗୁରୁବାର ଜାତୀୟ ସେବା ଯୋଜନା, ଯୁବ ରେଡ୍‌କ୍ରସ ପକ୍ଷରୁ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। କଲେଜ ଅଧ୍ୟକ୍ଷ ଦୁର୍ଯ୍ୟୋଧନ ଦାଶଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ଶିବିରରେ ଭବାନୀପାଟଣା ରକ୍ତ ଭଣ୍ଡାର ଅଧିକାରୀ ଡ. ବିବେନ୍ଦୁ ବଳ ମୁଖ୍ୟ ଅତିଥି, ବେଲଖଣ୍ଡି ସ୍ୱାସ୍ଥ୍ୟ କେନ୍ଦ୍ରର ଡା. ମନୋଜ ପଧାନ, ଆୟୁଷ ଡାକ୍ତର ପ୍ରତିଭା ରାଏ, ବେଲଖଣ୍ଡି ସରପଞ୍ଚ ସୁଶାନ୍ତ ବାଗ, ସିର୍ଜାପାଲି ସରପଞ୍ଚ ପ୍ରମୋଦ କୁମାର ଦାଶ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ଏଥିରେ ମୋଟ ୨୧ ୟୁନିଟ୍ ରକ୍ତ ସଂଗ୍ରହ କରାଯାଇଛି। ଅନ୍ୟମାନଙ୍କ ମଧ୍ୟରେ ଯୁବ ରେଡ୍‌କ୍ରସ ଅଧିକାରୀ ଅଧ୍ୟାପକ ସଦାନନ୍ଦ ଶତପଥୀ, ଜାତୀୟ ସେବା ଯୋଜନା ଅଧିକାରୀ ଦୁର୍ଯ୍ୟୋଧନ ବିଷୋଇ, ଝସକେତନ ଚୌଧୁରୀ ପ୍ରମୁଖ ଉପସ୍ଥିତ ଥିଲେ। ଭବାନୀପାଟଣା ବ୍ଲଡ଼ବ୍ୟାଙ୍କ କର୍ମଚାରୀ ଏଲ୍‌ଟି ଡୋଳାମଣି ମାଝୀ, ଏଲ୍‌ଟି କୃଷ୍ଣ ଚନ୍ଦ୍ର ସାହୁ, ଏଲ୍‌ଟି ସଞ୍ଜୀବ ମହାକୁଡ଼ ପ୍ରମୁଖ ସହଯୋଗ କରିଥିଲେ।

### ଭାଜପାର 'ଗାଁ ଚାଲ ଅଭିଯାନ'

**ଗୋଲାମୁଣ୍ଡା,୧୦।୪(ବଟକୃଷ୍ଣ ପଣ୍ଡା):** ଜୁନାଗଡ଼ ନିର୍ବାଚନ ମଣ୍ଡଳୀ ଅନ୍ତର୍ଗତ ଗୋଲାମୁଣ୍ଡା ବ୍ଲକ କେନ୍ଦୁପାଣି ଗ୍ରାମରେ ଭାଜପାର 'ଗାଁ ଚାଲ ଅଭିଯାନ' ବ୍ଲକ ଅଧ୍ୟକ୍ଷ ବିନ୍ଦୁ ମହାନନ୍ଦଙ୍କ ନେତୃତ୍ୱରେ ଅନୁଷ୍ଠିତ ହୋଇଯାଇଛି। କେନ୍ଦ୍ରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ନେତୃତ୍ୱାଧୀନ ସରକାରଙ୍କ ଦ୍ୱାରା ନିଆଯାଇଥିବା ବିଭିନ୍ନ ଲୋକହିତକାରୀ ଯୋଜନା ବିଷୟରେ ଲୋକଙ୍କୁ ଅବଗତ କରିଥିଲେ। ସ୍ୱଚ୍ଛ ଭାରତ ଯୋଜନାରେ ଶୌଚାଳୟ, ସୁଭଦ୍ରା ଯୋଜନାରେ ମହିଳାଙ୍କ ଆକାଉଣ୍ଟକୁ ସିଧାସଳଖ ଟଙ୍କା ପ୍ରଦାନ, ଅନ୍ତ୍ୟୋଦୟ ଗୃହ ଯୋଜନା, ପ୍ରଧାନମନ୍ତ୍ରୀ ଆବାସ ଯୋଜନା, ଉଜ୍ଜ୍ୱଳା ଗ୍ୟାସ, ସୌଭାଗ୍ୟ ଯୋଜନା, କିଷାନ ନିଧି ଭଳି ଯୋଜନା ଘରେ ଘରେ ପହଞ୍ଚିଛି ବୋଲି କହିଥିଲେ। ଏହି କାର୍ଯ୍ୟକ୍ରମରେ ଭାଜପା ମଣ୍ଡଳ ସଭାପତି ବୈଶାଖୁ କେତକୀ, ମଣ୍ଡଳ ପ୍ରତିନିଧି ପ୍ରଦୀପ ପଣ୍ଡା, ଜିଲା ଯୁବମୋର୍ଚ୍ଚା ସଦସ୍ୟ ସମୀର ସାହୁ, ପୂର୍ବତନ ଜିଲା ପରିଷଦ ସଦସ୍ୟ ବୃଷଭ ନାଏକ, ଗୋଲାମୁଣ୍ଡା ସମିତିସଭ୍ୟାଙ୍କ ପ୍ରତିନିଧି ସୁବାସ ନାଏକ, ଏସ୍‌ସି ସେଲ

# ୬୦୬ରୁ ଅଛନ୍ତି ମାତ୍ର ୧୯୯ ଡାକ୍ତର

**କଳାହାଣ୍ଡି ଜିଲା ସ୍ୱାସ୍ଥ୍ୟ ବିଭାଗ**

**ପରିଚାଳନା ସମସ୍ୟା ନେଇ ସିଡିଏମ୍‌ଓଙ୍କ ଅସନ୍ତୋଷ**

**ଭବାନୀପାଟଣା,୧୦।୪ (ଉତ୍ତମ କୁମାର ଦାଶ)**



କଳାହାଣ୍ଡି ଜିଲା ମୁଖ୍ୟ ଚିକିତ୍ସାଳୟ।

କଳାହାଣ୍ଡି ଜିଲା ସ୍ୱାସ୍ଥ୍ୟ ବିଭାଗରେ ଏବେ ଅନେକ ପଦବୀ ଖାଲି ପଡିଛି। ଫଳରେ ଜିଲାବାସୀ ଠିକ୍ ସମୟରେ ଆବଶ୍ୟକ ସ୍ୱାସ୍ଥ୍ୟସେବା ପାଉ ନ ଥିବା ଅଭିଯୋଗ ହେଉଛି। ମିଳିଥିବା ସୂଚନା ଅନୁଯାୟୀ, ଜିଲାରେ ୬୦୬ ଡାକ୍ତର ପଦବୀ ରହିଥିବାବେଳେ ଏବେ ମାତ୍ର ୧୯୯ ଜଣ ରହିଛନ୍ତି। ୪୦୭ ଜଣ ଅର୍ଥାତ୍ ୬୭% ଡାକ୍ତର ପଦବୀ ଖାଲିପଡିଛି। ସେହିପରି ଆୟୁଷ ମେଡିକାଲ ଅଫିସର ୫୫ ମଧ୍ୟରୁ ବର୍ତ୍ତମାନ ୪୧ ଥିବାବେଳେ ୧୪ଟି ପଦବୀ ଖାଲିପଡିଛି। ଷ୍ଟାଫ୍‌ନର୍ସ ୩୫୬ ମଧ୍ୟରୁ ୨୩୯ଜଣ ଥିବାବେଳେ ୧୧୭ଟି ଖାଲିପଡିଛି। ସିଏଚ୍‌ଓ (କମ୍ୟୁନିଟି ହେଲ୍‌ଥ ଅଫିସର) ୧୯୯ ମଧ୍ୟରୁ ୧୮୬ ଜଣ ରହିଥିବାବେଳେ ୧୩ ପଦବୀ ଖାଲିପଡିଛି। ଫାର୍ମାସିଷ୍ଟ ୯୦ ମଧ୍ୟରୁ ବର୍ତ୍ତମାନ ୭୬ ଜଣ ରହିଥିବାବେଳେ ୧୪ ପଦବୀ ଖାଲିପଡିଛି। ଏମ୍‌ପିଏଚ୍‌ଏସ୍ (ପୁରୁଷ) ୬୦ରୁ ୪୬ ଜଣ ରହିଥିବାବେଳେ ୧୪ ପଦବୀ ଖାଲିପଡିଛି। ଏମପିଏଚ୍‌ଏସ୍ (ମହିଳା)/ଏଲ୍‌ଏଚ୍‌ଭି ୪୬ରୁ ୧୭ ଜଣ ରହିଥିବାବେଳେ ୨୯ ପଦବୀ ଖାଲିପଡିଛି। ଏଲ୍‌ଟି ୫୫ଜଣ ମଧ୍ୟରୁ ୨୯ ଜଣ ରହିଥିବାବେଳେ ୨୬ ପଦବୀ ଖାଲି ପଡିଛି। ରେଡିଓଗ୍ରାଫର ୧୯ଜଣଙ୍କ ମଧ୍ୟରୁ ୧୬ ଜଣ ରହିଥିବାବେଳେ ୩ ପଦବୀ ଖାଲିପଡିଛି। ଏମ୍‌ପିଏଚ୍‌ଡବ୍ଲ୍ୟୁ (ପୁରୁଷ) ୧୮୫ ମଧ୍ୟରୁ ୧୮୧ ଜଣ ରହିଥିବାବେଳେ ୪ ପଦବୀ ଖାଲିପଡିଛି। ଏହି ତଥ୍ୟ ଦେଖିଲେ ଜିଲାରେ କିପରି ସ୍ୱାସ୍ଥ୍ୟ ସେବା ପରିଚାଳନା ହେଉଥିବ ତାହା ସହଜେ ଅନୁମେୟ। ବୁଧବାର ଜିଲାପରିଷଦ ବୈଠକରେ ଜିଲା ମୁଖ୍ୟ ଚିକିତ୍ସା ଅଧିକାରୀ (ସିଡିଏମ୍‌ଓ) ଡା. ମିନତୀଲତା ଦାସ ଏହି ସମସ୍ୟା ଉପସ୍ଥାପନ କରିଥିଲେ। ଜିଲାରେ ଏତେ କମ୍ ସଂଖ୍ୟକ ଡାକ୍ତର, କର୍ମଚାରୀ ପଦବୀ ଖାଲିପଡିଥିବାରୁ ପରିଚାଳନାରେ ସମସ୍ୟା ସୃଷ୍ଟି ହେଉଥିବାରୁ ସେ ଅସନ୍ତୋଷ ପ୍ରକାଶ କରିଥିଲେ। ଜିଲାରେ ଜିଲା ମୁଖ୍ୟ ଚିକିତ୍ସାଳୟ ସମେତ ଗୋଟିଏ ଉପଖଣ୍ଡ ଡାକ୍ତରଖାନା, ୧୭ଟି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର, ୪୫ଟି ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର, ଗୋଟିଏ ଉପପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର, ୟୁଏଚ୍‌ଡବ୍ଲ୍ୟୁସି ୪ ଓ ଉପସ୍ୱାସ୍ଥ୍ୟ କେନ୍ଦ୍ର ୨୪୧ଟି ରହିଛି। ରାଜ୍ୟ ସରକାର ତୁରନ୍ତ ଏଥିପ୍ରତି ଦୃଷ୍ଟିଦେବାକୁ ସାଧାରଣରେ ଦାବି ହୋଇଛି।

# ପୃଥକ୍ ମାମଲାରେ ୪ ଗିରଫ


ଖବରଦାତା ସମ୍ମିଳନୀରେ ଏସ୍‌ପି ସୂଚନା ଦେଉଛନ୍ତି।

**ନୂଆପଡ଼ା,୧୦।୪ (ମକାରୁ ବେମାଲ)**

ନୂଆପଡ଼ା ଜିଲା ଜୋଙ୍କ ଥାନା ଖରିଆର ରୋଡ ସହରରେ ପୋଲିସ ଚଢାଉ କରି ବିପୁଳ ପରିମାଣ ଗଞ୍ଜେଇ, କଫ ସିରପ, ନିଶା ବଟିକା ଓ ଇଞ୍ଜେକ୍ସନ ଜବତ କରି ୩ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି । ସେମାନେ ହେଲେ ଖରିଆର ରୋଡ ସହର ଧୋବିପଡାର ବଣ୍ଟି ଅଗ୍ରୱାଲ (୩୦), ଗୁଞ୍ଜି ଅଗ୍ରୱାଲ (୨୩) ଓ ପାୟଲ ଅଗ୍ରୱାଲ (୨୫)। ସେହିପରି ସଦର ବ୍ଲକ ସାଲିହାସ୍ଥିତ ଛାୱାରୀ ମଠ ମହନ୍ତ ସଦାନନ୍ଦ ଭାରତୀଙ୍କୁ ଛୁରି ଭୁସି ହତ୍ୟା ଉଦ୍ୟମ ଘଟଣାର ମୁଖ୍ୟ ଅଭିଯୁକ୍ତ ଖରିଆର ରୋଡ ଷ୍ଟେଶନ ପଡାର ଦେବା ମଣ୍ଡଳ (୩୪)ଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି। ପୋଲିସ ମୁଖ୍ୟାଳୟଠାରେ ବୁଧବାର ସନ୍ଧ୍ୟାରେ ଅନୁଷ୍ଠିତ ଖବରଦାତା ସମ୍ମିଳନୀରେ ଜିଲା ଆରକ୍ଷୀ ଅଧୀକ୍ଷକ ଗୁନ୍ଦାଳା ରେଡ୍ଡୀ ରାଘବେନ୍ଦ୍ର ଏହି ସୂଚନା ଦେଇଛନ୍ତି । ସୂଚନା ମୁତାବକ ଖରିଆର ରୋଡ ସହର ରେ ବେଆଇନ ଭାବରେ ଗଞ୍ଜେଇ, ନିଶା ବଟିକା, ଇଞ୍ଜେକ୍ସନ ଓ କଫସିରପ ବିକ୍ରୟ ହେଉଛି ବୋଲି ପୋଲିସକୁ ଖବର ମିଳିଥିଲା। ଜୋଙ୍କ ଥାନା ଅଧିକାରୀ ପ୍ରଦୀପ ଧରୁଆଙ୍କ ନେତୃତ୍ୱରେ ଏକ ଟିମ ଧୋବିପଡା ବଣ୍ଟି ଅଗ୍ରୱାଲଙ୍କ ଘରେ ଚଢାଉ କରିଥିଲେ । ସେଠାରେ ୯ଟି ପଲିଥିନରୁ ୩୦ କିଗ୍ରା ଗଞ୍ଜେଇ, ୭୩ ବୋତଲ କଫସିରପ, ୧୧୫ ଷ୍ଟ୍ରିପ ନିଶା ବଟିକା ଓ ୧୦ଟି ନିଶା ଇଞ୍ଜେକ୍ସନ ଜବତ କରିବା ନଗଦ ୮୫ ହଜାର ଟଙ୍କା, ୨ଟି କାର, ୨ଟି ମୋବାଇଲ ଫୋନ ଜବତ କରିଥିଲେ। ବେଆଇନ ନିଶା କାରବାରରେ ବଣ୍ଟି, ଗୁଞ୍ଜି, ପାୟଲ ଏବଂ ହତ୍ୟା ଉଦ୍ୟମ ଘଟଣାରେ ଦେବାଙ୍କୁ ପୋଲିସ ଗିରଫ କରି କୋର୍ଟ ଚାଲାଣ କରିଛି। ବେଆଇନ ନିଶା କାରବାର ଜଡିତ ଥାଇ ଫେରାର ହୋଇଯାଇଥିବା ୨ ଅଭିଯୁକ୍ତ ସଚିନ ଓ ଟୁନା ଅଗ୍ରୱାଲଙ୍କୁ ଖୁବ୍‌ଶୀଘ୍ର ଗିରଫ କରାଯିବ ବୋଲି ଆରକ୍ଷୀ ଅଧୀକ୍ଷକ ଜିଆର ରାଘବେନ୍ଦ୍ର ସୂଚନା ଦେଇଛନ୍ତି।

# ବନ୍ଧାହେଲେ ଆତଙ୍କ ଖେଳାଉଥିବା ଯୁବକ


ଧାରଣା ଦେବା ପାଇଁ ଆସିଥିବା ଗୋବରା ଗ୍ରାମବାସୀ।

**ନୂଆପଡ଼ା,୧୦।୪ (ମକାରୁ ବେମାଲ)**

**ଜିଲାପାଳଙ୍କ ଅଫିସ ଆଗରେ ଧାରଣା ପରେ ପଦକ୍ଷେପ**

ନୂଆପଡ଼ା ସଦର ବ୍ଲକ୍ ଟାନ୍‌ୱାଟ ପଞ୍ଚାୟତ ଗୋବରା ଗାଁର ଜଣେ ଯୁବକଙ୍କ ଉନ୍ମତ୍ତକାଣ୍ଡ ଯୋଗୁ ଗ୍ରାମବାସୀ ତାଟିକବାଟ ବନ୍ଦ କରି ରହୁଥିଲେ। ଏ ନେଇ ପୋଲିସରେ ଅଭିଯୋଗ ପରେ ମଧ୍ୟ ସୁଫଳ ନ ପାଇବାରୁ ଗ୍ରାମର ଶତାଧିକ ମହିଳାପୁରୁଷ ଆଦିବାସୀ ନେତା ଭକ୍ତବନ୍ଧୁ ଧରୁଆଙ୍କ ନେତୃତ୍ୱରେ ଗୁରୁବାର ନୂଆପଡ଼ା ଜିଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦେଇଥିଲେ। ପରେ ଜିଲାପାଳ ମଧୁସୂଦନ ଦାସ ଧାରଣାସ୍ଥଳକୁ ଆସି ଲୋକଙ୍କ ସହ ଆଲୋଚନା କରିଥିଲେ। ଗାଁ ଲୋକେ ଆତଙ୍କ ଖେଳାଉଥିବା ରାଜେନ୍ଦ୍ର ରାଉତ (୩୮)ଙ୍କୁ ଗିରଫ ନ କରିବା ପର୍ଯ୍ୟନ୍ତ ଧାରଣାରୁ ଉଠିବେ ନାହିଁ ବୋଲି ଜିଦ ଧରିଥିଲେ। ପରେ ଜିଲାପାଳ ନୂଆପଡ଼ା ଥାନା ଅଧିକାରୀ ଗଙ୍ଗାଧର ମେହେରଙ୍କୁ ଘଟଣାସ୍ଥଳକୁ ଡକାଇ ଗିରଫ ପାଇଁ ନିର୍ଦ୍ଦେଶ ଦେଇଥିଲେ । ନୂଆପଡ଼ା ଥାନାର ଏକ ପୋଲିସ ଟିମ୍ ଗୋବରା ଗାଁକୁ ଯାଇ ରାଜେନ୍ଦ୍ରଙ୍କୁ ଗିରଫକରି ଆଣିବା ପରେ ଅପରାହ୍ନ ୨ଟାରେ ଧାରଣା ପ୍ରତ୍ୟାହୃତ ହୋଇଥିଲା। ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ ରାଜେନ୍ଦ୍ର ଅଧିକାଂଶ ସମୟରେ ନିଶା ସେବନକରି ରାସ୍ତାଘାଟ ବା ଘରକୁ ପଶି ବିନା କାରଣରେ ଲୋକଙ୍କୁ ମାଡ଼ ମାରିବା ସହ ମହିଳାମାନଙ୍କୁ ଅଶ୍ଳୀଳ ଭାଷାରେ ଗାଳିଗୁଲଜ କରନ୍ତି। କେହି ମୁହଁ ଖୋଲି କିଛି କହିଲେ ତାଙ୍କୁ ମଧ୍ୟ ମାଡ଼ ମାରନ୍ତି। ହାତରେ ସବୁବେଳେ ଛୁରି, ଟାଙ୍ଗିଆ, ଖଣ୍ଡା, ଠେଙ୍ଗା ଆଦି ଧରି ଗାଁ ଦାଣ୍ଡରେ ବୁଲନ୍ତି। ଟାଙ୍ଗିଆ ଆକ୍ରମଣରେ ଗାଁର ବୃଷଭ ମାଝି(୩୦), ଜାନକୀ ରାଉତ (୪୭), ଲୋଚନ ମାଝି (୪୮) ଆହତ ହୋଇଛନ୍ତି। ଗାଁ ପ୍ରାଥମିକ ବିଦ୍ୟାଳୟ ପ୍ରଧାନ ଶିକ୍ଷକଙ୍କୁ ବିନା ଦୋଷରେ ମାଡ଼ ମାରିବାରୁ ପିଲାମାନେ ଭୟରେ ସ୍କୁଲ ଯାଉନାହାନ୍ତି। ବିଦ୍ୟାଳୟ ପରିସରରେ ଅଙ୍ଗନୱାଡି କେନ୍ଦ୍ର ଥିବାବେଳେ ଶିଶୁ, ପ୍ରସୂତି ମା', ଗର୍ଭବତୀ, କିଶୋରୀମାନେ ଭୟରେ ଖାଦ୍ୟସାମଗ୍ରୀ ଆଣିବାକୁ ଯାଇପାରୁନାହାନ୍ତି। ପ୍ରଧାନ ଶିକ୍ଷକ ଓ ଗ୍ରାମବାସୀ ଏ ନେଇ ଲଖନା ଥାନାରେ ଲିଖିତ ଅଭିଯୋଗ କଲା ପରେ ମଧ୍ୟ ପଦକ୍ଷେପ ନିଆ ନ ଯିବାରୁ ଜିଲାପାଳଙ୍କ ଦ୍ୱାରସ୍ଥ ହୋଇଥିଲେ। ଗ୍ରାମର କରଣ ସିଂ ମାଝି, ନନ୍ଦୁ ରାଉତ, ଚନ୍ଦ୍ର ସିଂ ମାଝି, ବଳମତ ମାଝି, କୁମରମଣି ରାଉତ, ଡମ୍ବରୁଧର ରାଉତ, ଲକ୍ଷ୍ମୀ ମାଝି, ମୋତିଲାଲ ରାଉତ, ମାଳତି ମାଝି, ସାବିତ୍ରୀ ରାଉତ, ଗୋମତି ରାଉତ, ସୋହଦ୍ରା ରାଉତ, ବିଶାଖା ରାଉତ ପ୍ରମୁଖ ଧାରଣାରେ ସାମିଲ ଥିଲେ।

### ଗଣଶିକ୍ଷା ମନ୍ତ୍ରୀଙ୍କ ସ୍କୁଲ ପରିଦର୍ଶନ

**ଜୁନାଗଡ଼, ୧୦।୪( ସୁନୀଲ କୁମାର ସିଂହ):** ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଗୁରୁବାର କଳାହାଣ୍ଡି ଜିଲ୍ଲା ଜୁନାଗଡ଼ ବ୍ଲକ ମଥୁରାସ୍ଥିତ ରାଧାକୃଷ୍ଣ ହାଇସ୍କୁଲ ପରିଦର୍ଶନ କରିଥିଲେ। ଏହି ସମୟରେ ସେ ବିଦ୍ୟାଳୟ ଛାତ୍ରୀଛାତ୍ରଙ୍କ ସହ ଆଲୋଚନା କରି ବିଭିନ୍ନ ପ୍ରସଙ୍ଗରେ ପଚାରି ବୁଝିଥିଲେ। ଏହି ଅବସରରେ ବିଦ୍ୟାଳୟର ସମସ୍ତ ଶିକ୍ଷୟିତ୍ରୀ, ଶିକ୍ଷକ, ଅଭିଭାବକ ଓ ଗ୍ରାମବାସୀ ତାଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇଥିଲେ।

### ଲୋକକଳା ପାଇଁ ଦିନଟିଏ

**ଖଡ଼ିଆଳ,୧୦।୪ (ସୁଜିତ କୁମାର ପ୍ରଧାନ):** ଓଡ଼ିଆ ପକ୍ଷ ପାଳନ ଅବସରରେ ଗୁରୁବାର ଲୋକକଳା ପାଇଁ ଦିନଟିଏ ପାଳିତ ହୋଇଯାଇଛି। ଖଡ଼ିଆଳ ବ୍ଲକ ସଭାଗୃହରେ ଆୟୋଜିତ ସଭାରେ ବ୍ଲକ କଳା ଓ ସଂସ୍କୃତି ସଂଘ ସଭାପତି ତଥା ଖଡ଼ିଆଳ ବିଡ଼ିଓ ନରସିଂହ ଗାଡ଼ବା ସଭାପତିତ୍ୱ କରିଥିଲେ। ଜିଲା କଳା ଓ ସଂସ୍କୃତି ସଂଘର ଉପସଭାପତି ଅର୍ଜୁନ ଛତ୍ରିଆ, ବରିଷ୍ଠ ପାଲା ଗାୟକ ଅମୂଲ୍ୟ ମୁଣ୍ଡ ଅତିଥି ଭାବରେ ଯୋଗଦେଇ ଲୋକକଳାର ମହତ୍ୱ ଉପରେ ଆଲୋଚନା କରିଥିଲେ। ବିଏସ୍‌ଏସ୍‌ଓ କୁମର ମାଝୀ ସଭା ପରିଚାଳନା କରିଥିବା ବେଳେ ଖଡ଼ିଆଳ ଅଞ୍ଚଳର ବରିଷ୍ଠ କଳାକାରଙ୍କୁ ସମ୍ମାନିତ କରାଯାଇଥିଲା।

# ଗିରି ଗୋବର୍ଦ୍ଧନ ଜଙ୍ଗଲରେ ନିଆଁ


ଜଙ୍ଗଲରେ ନିଆଁ ଲାଗିଛି।

**କୋକସରା,୧୦।୪ (ଦୁଷ୍ମନ୍ତ କୁମାର ପାଙ୍ଗଯୋଷୀ)**

କଳାହାଣ୍ଡି ଜିଲା କୋକସରା ବ୍ଲକ କାଉଡୋଳା ଗ୍ରାମକୁ ଲାଗି ରହିଥିବା ଗିରି ଗୋବର୍ଦ୍ଧନ ଜଙ୍ଗଲରେ ଗୁରୁବାର କୌଣସି କାରଣରୁ ହଠାତ୍ ନିଆଁ ଲାଗି ବ୍ୟାପିଯାଇଥିଲା। ଏହାଦେଖି ସ୍ଥାନୀୟ ଯୁବକ ସଂଘ ପକ୍ଷରୁ ଆମପାଣି ଫରେଷ୍ଟ ସମେତ କୋକସରା ଅଗ୍ନିଶମ ବିଭାଗକୁ ଖବର ଦିଆଯାଇଥିଲା। ବ୍ଲକ ଅଗ୍ନିଶମ ବିଭାଗ ଓଆଇସି ପ୍ରଶାନ୍ତ କୁମାର ବାଘଙ୍କ ନେତୃତ୍ୱରେ କର୍ମଚାରୀମାନେ ପହଞ୍ଚି ଜଙ୍ଗଲରେ ଲାଗିଥିବା ନିଆଁକୁ ସ୍ଥାନୀୟ ଯୁବକ ସଂଘ କର୍ମକର୍ତ୍ତାଙ୍କ ମିଳିତ ସହଯୋଗରେ ଆୟତ୍ତ କରିଥିଲେ। ଅନ୍ୟପଟେ ଜଙ୍ଗଲ ତଳେ ଥିବା ଚାଷଜମିରେ ଧାନ ଚାଷ ମଧ୍ୟ ନଷ୍ଟ ହୋଇଥିବା ସ୍ଥାନୀୟ ଚାଷୀ ନୀଳମାଧବ ସାହୁ ଅଭିଯୋଗ କରିଛନ୍ତି। ତେବେ ଆମପାଣି ଫରେଷ୍ଟ କର୍ମଚାରୀଙ୍କୁ ଖବର ଦିଆଯାଇଥିଲେ ସୁଦ୍ଧା ବିଳମ୍ବରେ ପହଞ୍ଚିବାରୁ ବ୍ୟାପକ ଜଙ୍ଗଲ ନଷ୍ଟ ହୋଇଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଏ ନେଇ ଆମପାଣି ଫରେଷ୍ଟର ଚିତ୍ତରଞ୍ଜନ ବେହେରାଙ୍କ ପ୍ରତିକ୍ରିୟା ନେବାକୁ ଯୋଗାଯୋଗ କରିଥିଲେ ମଧ୍ୟ ସମ୍ଭବ ହୋଇପାରି ନାହିଁ।

# ଲୋକକଳା ପାଇଁ ଦିନଟିଏ କାର୍ଯ୍ୟକ୍ରମ

**ଜୁନାଗଡ଼, ୧୦।୪(ସୁନୀଲ କୁମାର ସିଂହ)**


କାର୍ଯ୍ୟକ୍ରମରେ ଯୋଗଦେଇଥିବା ଅତିଥିମାନେ।

କଳାହାଣ୍ଡି ଜିଲା ଜୁନାଗଡ଼ ବ୍ଲକ ଛୋରିଆଗଡଠାରେ ଓଡ଼ିଆ ପକ୍ଷ ପାଳନ ଅବସରରେ ଲୋକକଳା ପାଇଁ ଦିନଟିଏ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଜିଲାପାଳ ତଥା ଜିଲା ସଂସ୍କୃତି ପରିଷଦ ଅଧ୍ୟକ୍ଷ ସଚିନ ପାୱାର ପ୍ରକାଶଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ଜିଲା ସଂସ୍କୃତି ଅଧିକାରୀ ବିବେକାନନ୍ଦ ମହାନନ୍ଦ, ଜିଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ହଳଧର ନିଆଲ, ଜୁନାଗଡ ବିଡିଓ ଦେବାଶିଷ କର, ତହସିଲଦାର ସୁର୍ମି ସୋରେନ, ଛୋରିଆଗଡ ସରପଞ୍ଚ ବବିତା ଗୁରୁ, ପ୍ରତିଭା ଅନୁଷ୍ଠାନର ସଭାପତି ଧାନନନ୍ଦ ପଣ୍ଡା, ଜିଲା କଳା ସଂସ୍କୃତି ସଂଘର ଉପସଭାପତି କରୁଣାକର ଦାସ ପ୍ରମୁଖ ମଞ୍ଚାସୀନ ଥିଲେ। ଲୋକକଳାକୁ ବଞ୍ଚାଇ ରଖିଥିବା ୪ଜଣ କଳାକାର ଯଥା ଘୁମୁରା ପାଇଁ ରବୀନ୍ଦ୍ର କୁମାର ବେହେରୁକ, ବନାବାଡି ପାଇଁ ସୁଗ୍ରୀବ ଖର୍ସେଲ, ସଂକୀର୍ତ୍ତନ ପାଇଁ ଗଣେଶ ନାଏକ ଓ ମାଦଳି ପାଇଁ ରୁବନ ବନ୍ଦିଛୋଡଙ୍କୁ ସମ୍ମାନିତ କରାଯାଇଥିଲା। କଳାଗ୍ରାମ ଛୋରିଆଗଡ଼ଠାରେ ଏକ ତୋରଣ ସହିତ ଉଦ୍ୟାନ ନିର୍ମାଣ ପାଇଁ ଜିଲାପାଳ ଘୋଷଣା ପରେ ଲୋକଙ୍କ ମଧ୍ୟରେ ଖୁସିର ଲହରି ଖେଳିଯାଇଥିଲା। କଳାହାଣ୍ଡି ସଂସ୍କୃତି ପରିଷଦ ସଂଯୋଜକ ଅଶୋକ ପଟ୍ଟନାୟକ ସଭା ସଂଯୋଜନା ଓ ଶିକ୍ଷକ ସୁଧାଂଶୁ ଗୁରୁ ଧନ୍ୟବାଦ ଅର୍ପଣ କରିଥିଲେ।

### ଟିଙ୍ଗୁଡ଼ିସରଠାରେ ବଙ୍କା ସମାଜର ବୈଠକ

**ଜୁନାଗଡ଼, ୧୦।୪ (ସୁନୀଲ କୁମାର ସିଂହ):** କଳାହାଣ୍ଡି ଜିଲା ଜୁନାଗଡ଼ ବ୍ଲକ ଟିଙ୍ଗୁଡ଼ିସରଠାରେ ବଙ୍କା ସମାଜର ସଭାପତି ବିମ୍ବାଧର ପ୍ରଧାନୀଙ୍କ ସଭାପତିତ୍ୱରେ ଏକ ବୈଠକ ଅନୁଷ୍ଠିତ ହୋଇଥିଲା। ଏଥିରେ ମିଚାଗାଁରେ ଘଟିଥିବା ଗଣବଳାତ୍କାରରେ ସମ୍ପୃକ୍ତ ଅପରାଧୀଙ୍କୁ ଆଇନ ଅନୁଯାୟୀ କଠୋର ଦଣ୍ଡ ଦେବା ସହ ପୀଡିତାଙ୍କୁ ନ୍ୟାୟ ଦେବା ପାଇଁ ଏକ ଦାବିପତ୍ର ଜୁନାଗଡ଼ ପୋଲିସକୁ ପ୍ରଦାନ ପାଇଁ ଆଲୋଚନା ହୋଇଥିଲା। ସମାଜର ଜିଲା ସମ୍ପାଦକ ଜାମିନିକାନ୍ତ ଲେଞ୍ଜିଆ ସଭା ପରିଚାଳନା କରିଥିବାବେଳେ ସମସ୍ତ ଜିଲା କର୍ମକର୍ତ୍ତା ଉପସ୍ଥିତ ଥିଲେ। ବିରେନ୍ଦ୍ର ବେହେରୁକ, ରାଜେନ୍ଦ୍ର ମହାଳିକ, କୁନା ଦଣ୍ଡସେନା, ହିମାଂଶୁ ପୂଜାରି ସହଯୋଗ କରିଥିଲେ।

# ପ୍ରାଥମିକ ବିଦ୍ୟାଳୟର ବାର୍ଷିକ ଉତ୍ସବ

**ଲାଞ୍ଜିଗଡ଼, ୧୦।୪(ରମେଶ ଚନ୍ଦ୍ର ନାୟକ)**

କଳାହାଣ୍ଡି ଜିଲା ଲାଞ୍ଜିଗଡ଼ ବ୍ଲକ୍ କାନକୁଟୁରୁ ପଞ୍ଚାୟତ ମଟକେରା ସରକାରୀ ପ୍ରାଥମିକ ବିଦ୍ୟାଳୟର ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ପ୍ରଧାନ ଶିକ୍ଷକ ପଞ୍ଚାନନ ନାଗଙ୍କ ସଭାପତିତ୍ୱରେ ସ୍ଥାନୀୟ ସରପଞ୍ଚ ବନମାଳୀ ମାଝୀ ମୁଖ୍ୟ ଅତିଥି, ଖବରଦାତା କୈଳାସ ସାହୁ ମୁଖ୍ୟବକ୍ତା ଓ ଲାଞ୍ଜିଗଡ଼ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ସୁଢ଼ଳଦେବ ମୁଣ୍ଡ, ନାଏବ ସରପଞ୍ଚ ପ୍ରତିନିଧି ମଳୟ ବିଭାର, ସ୍କୁଲ ପରିଚାଳନା କମିଟି ସଭାପତି ନିଧନ ବିଭାର ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ବିଭିନ୍ନ ପ୍ରତିଯୋଗିତାରେ କୃତୀ ପ୍ରତିଯୋଗୀଙ୍କୁ ଅତିଥିମାନେ ପୁରସ୍କାର ପ୍ରଦାନ କରିଥିଲେ। ଶେଷରେ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମରେ ସ୍କୁଲର ସହ ଶିକ୍ଷକ ସୁନୀଲ, ଆର୍‌ସିଏମ୍ ଶିକ୍ଷୟିତ୍ରୀ ସୁଜାତା ନାଗ ପ୍ରମୁଖ ସହଯୋଗ କରିଥିବାବେଳେ ଖବରଦାତା ମଳୟ ବେନୁଆଁ ମଞ୍ଚ ପରିଚାଳନା କରିଥିଲେ।

# ଆଶ୍ରମ ସ୍କୁଲର ବାର୍ଷିକ ଉତ୍ସବ

**ଖଡ଼ିଆଳ,୧୦।୪ (ସୁଜିତ କୁମାର ପ୍ରଧାନ)**


ଜଣେ କୃତୀ ପ୍ରତିଯୋଗୀଙ୍କୁ ଅତିଥି ପୁରସ୍କୃତ କରୁଛନ୍ତି।

ନୂଆପଡ଼ା ଜିଲା ଖଡ଼ିଆଳ ବ୍ଲକ୍ ନେହେନାସ୍ଥିତ ଆଶ୍ରମ ସ୍କୁଲର ବାର୍ଷିକ ଉତ୍ସବ ପ୍ରଧାନ ଶିକ୍ଷକ ପୂର୍ଣ୍ଣଚନ୍ଦ୍ର ପରିଡ଼ାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଖଡ଼ିଆଳ ବିଧାୟକ ଅଧିରାଜ ମୋହନ ପାଣିଗ୍ରାହୀ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଏହାକୁ ଉଦ୍‌ଘାଟନ କରିଥିଲେ। ଖବରଦାତା ମୋତିଲାଲ ବାଗ ମୁଖ୍ୟବକ୍ତା ଓ ଡବ୍ଲ୍ୟୁଇଓ ରଜତ କୁମାର ସାହୁ, ଜିଲା ପରିଷଦ ସଦସ୍ୟ ମାଲ୍ୟବନ୍ତ ସୁନା, ନେହେନା ସରପଞ୍ଚ ଅଶୋକା ଦଣ୍ଡସେନା, ସମିତି ସଭ୍ୟା ଲୀଳା ରାଉତରାୟ, ସ୍କୁଲ ପରିଚାଳନା ସଭାନେତ୍ରୀ ଚାନ୍ଦା ବିଶି ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଛାତ୍ରୀଛାତ୍ରଙ୍କୁ ଉତ୍ସାହିତ କରିଥିଲେ। ପ୍ରଧାନ ଶିକ୍ଷକ ପରିଡ଼ା ବାର୍ଷିକ ବିବରଣୀ ପାଠକରି ସ୍କୁଲରେ ଏକ ହଷ୍ଟେଲ ଖୋଲିବା ସହ ପାଣି ନିଷ୍କାସନ ବ୍ୟବସ୍ଥା କରାଇବାକୁ ବିଧାୟକଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ବିଧାୟକ ପାଣିଗ୍ରାହୀ ଏ ଦିଗରେ ପଦକ୍ଷେପ ନେବେ ବୋଲି ପ୍ରତିଶ୍ରୁତି ଦେଇଥିଲେ। ଏହି ଅବସରରେ ବିଭିନ୍ନ ପ୍ରତିଯୋଗିତାରେ କୃତୀ ଛାତ୍ରୀଛାତ୍ରଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ। ପରେ ସ୍କୁଲ ଛାତ୍ରୀଛାତ୍ରଙ୍କ ଦ୍ୱାରା ରଙ୍ଗାରଙ୍ଗ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଶିକ୍ଷକ ରଜନୀକାନ୍ତ ଜୋଷୀ ମଞ୍ଚ ପରିଚାଳନା କରିଥିବା ବେଳେ ଶେଷରେ ପ୍ରଧାନ ଶିକ୍ଷକ ପରିଡା ଧନ୍ୟବାଦ ଅର୍ପଣ କରିଥିଲେ।

# ଭାରତ ସ୍କାଉଟ୍ସ ଗାଇଡ୍ସ କାମ୍ବୋରି ଉଦ୍‌ଯାପିତ

**ଭବାନୀପାଟଣା, ୧୦।୪ (ଉତ୍ତମ କୁମାର ଦାଶ)**



ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ମନ୍ତ୍ରୀ ଓ ଅନ୍ୟ ଅତିଥିମାନେ।

୩୦ତମ କଳାହାଣ୍ଡି ଜିଲାସ୍ତରୀୟ ଭାରତ ସ୍କାଉଟ୍ସ ଓ ଗାଇଡ୍ସ କାମ୍ବୋରୀ ୨୦୨୪-୨୫ ଗୁରୁବାର ଭବାନୀପାଟଣା ବ୍ଲକ ମେଦିନୀପୁର ପଞ୍ଚାୟତ ଉଚ୍ଚ ବିଦ୍ୟାଳୟଠାରେ ଉଦ୍‌ଯାପିତ ହୋଇଯାଇଛି। ଜିଲା ଶାରୀରିକ ଶିକ୍ଷା ନିରୀକ୍ଷକ ତଥା ଭାରତ ସ୍କାଉଟ୍ସ ଓ ଗାଇଡ୍ସ ସମ୍ପାଦକ ରୂପସିଂହ ରାଉତଙ୍କ ନେତୃତ୍ୱରେ ଏଥିରେ ଜିଲାର ୧୨୪ଟି ବିଦ୍ୟାଳୟରୁ ୨୭୭ ଜଣ ସ୍କାଉଟ (ବାଳକ) ଓ ୬୫ ଜଣ ଗାଇଡ (ବାଳିକା) ଭାଗ ନେଇଥିଲେ। ସେମାନଙ୍କ ମଧ୍ୟରେ ଅନୁଶାସନ, ଚରିତ୍ର ଗଠନ, ନେତୃତ୍ୱ, ସୃଜନଶୀଳତା ଓ ଆତ୍ମବିଶ୍ୱାସ ଜାଗ୍ରତ କରିବା ପାଇଁ ବିଭିନ୍ନ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଜିଲା ଶିକ୍ଷା ଅଧିକାରୀ ତଥା ଭାରତ ସ୍କାଉଟ୍ସ ଓ ଗାଇଡ୍ସ ଜିଲା ମୁଖ୍ୟ କମିଶନର ରାଧାକାନ୍ତ ଛତ୍ରିଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦ୍‌ଯାପନୀ ସମାରୋହରେ ମୁଖ୍ୟ ଅତିଥି ଭାବେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, ବିଶିଷ୍ଟ ଅତିଥି ଭାବେ ରାଜ୍ୟ ସଭା ସଦସ୍ୟ ସୁଜିତ କୁମାର ଓ ଅତିରିକ୍ତ ଜିଲାପାଳ ତନ୍ମୟ ଦରୱାନ, ସମ୍ମାନିତ ଅତିଥି ଭାବେ ପ୍ରାକ୍ତନ ଜିଲା ଶିକ୍ଷା ଅଧିକାରୀ ସୁଶାନ୍ତ କୁମାର ଚୋପଦାର, ନବରଙ୍ଗପୁର ଜିଲା ଶିକ୍ଷା ଅଧିକାରୀ ଛତ୍ରପତି ସାହୁ, ନର୍ଲା ଗୋଷ୍ଠୀ ଶିକ୍ଷା ଅଧିକାରୀ ତପିମଣି ଜାନୀ, ସାମାଜିକ କର୍ମୀ ଯୁଗଳ କିଶୋର ପୋଡ଼, ମେଦିନୀପୁର ସରପଞ୍ଚ ଗୌରୀ କୁମାର ମିଶ୍ର, ଆୟୋଜକ ବିଦ୍ୟାଳୟର ପ୍ରଧାନଶିକ୍ଷକ ତଥା ସାଂଗଠନିକ ସମ୍ପାଦକ ସୁଶୀଳ କୁମାର ବିଶାଳ ପ୍ରମୁଖ ଯୋଗଦେଇଥିଲେ। ସଙ୍ଗମ ନୃତ୍ୟ ଏକାଡେମୀ ଭବାନୀପାଟଣାର କଳାକାରମାନେ ନୃତ୍ୟ ପରିବେଷଣ କରିଥିବା ବେଳେ ପଞ୍ଚାୟତ ଉଚ୍ଚ ବିଦ୍ୟାଳୟ ମେଦିନୀପୁରର ଛାତ୍ରୀମାନେ ବିଦାୟୀ ସଙ୍ଗୀତ ପରିବେଷଣ କରିଥିଲେ। ଶିକ୍ଷକ ପ୍ରଭାତ କୁମାର ରଥ ଅତିଥି ପରିଚୟ ଓ ସଂଯୋଜନା କରିଥିବା ବେଳେ ଶିକ୍ଷୟିତ୍ରୀ ଶାଶ୍ୱତୀ ମହାପାତ୍ର ଓ ଶ୍ରୁତିସିଲଭା ପଣ୍ଡା ପୁରସ୍କାର ବିତରଣ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଅତିରିକ୍ତ ଜିଲା ଶିକ୍ଷା ଅଧିକାରୀ ପବିତ୍ର ମୋହନ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

## ସଂକ୍ଷେପରେ

### ସ୍କ୍ରାପ୍ ଜବତ, ଜଣେ ଗିରଫ

### ନିଆଁରେ ପୋଡି ବନକର୍ମୀ ମୃତ୍ୟୁ ମାମଲା

**ରାଉରକେଲା,୧୦।୪(ସଙ୍ଗୀତା ଜେନା):** ବିଶ୍ରା ଥାନା ଡରେଇକେଲା ଏବଂ ସନ୍ତୋଷପୁର ମଧ୍ୟବର୍ତ୍ତୀ ଅଞ୍ଚଳରେ ଗୁରୁବାର ପୂର୍ବାହ୍ଣ ୧୦ଟାରେ ପୋଲିସ ପାଟ୍ରୋଲିଂ ସମୟରେ ଏକ ସ୍କ୍ରାପ୍ ବୋଝେଇ ଅଟୋ ଜବତ ହୋଇଥିଲା। ଏଥିରେ ପ୍ରାୟ ୨କୁଇଣ୍ଟାଲ ୪୦କେଜି ସ୍କ୍ରାପ୍ ଥିଲା। ଏହାକୁ ମନୋହରପୁରରେ ବିକ୍ରି ପାଇଁ ନିଆଯାଉଥିଲା। ସ୍କ୍ରାପ୍ ଚାଲାଣ ଅଭିଯୋଗରେ ଅଟୋ ଚାଳକଙ୍କୁ ଗିରଫ କରାଯାଇଛି। ଗିରଫ ଅଭିଯୁକ୍ତ ହେଲେ ସେକ୍ଟର-୨୧ ରେହମତ୍ ନଗରର ଆଜିମ୍ ଖାନ୍(୩୫)। ଏ ନେଇ ପୋଲିସ ଏକ ମାମଲା (ନଂ.୧୩୬/୨୫) ରୁଜୁ କରି ଅପରାହ୍ଣ ୫ଟାରେ ଅଭିଯୁକ୍ତଙ୍କୁ କୋର୍ଟଚାଲାଣ କରିଛି। ସୂଚନାଯୋଗ୍ୟ, ପୋଲିସ ପାଟ୍ରୋଲିଂ ସମୟରେ ଉକ୍ତ ଅଟୋରେ ବେଆଇନ ସ୍କ୍ରାପ୍ ଆସୁଥିଲା। ଅଭିଯୁକ୍ତ ସେଗୁଡ଼ିକୁ ଅନ୍ୟ ଜଣେ ଅଟୋ ଚାଳକଙ୍କୁ ଦେବା ପାଇଁ ଯାଉଥିବା ପ୍ରକାଶ କରିଥିଲେ।

### ବିଶ୍ୱ ହୋମିଓପାଥିକ ଦିବସରେ ରକ୍ତଦାନ ଶିବିର

**ରାଉରକେଲା,୧୦।୪(ସଙ୍ଗୀତା ଜେନା):** ବିଶ୍ୱ ହୋମିଓପାଥିକ ଦିବସ ପାଳନ ଅବସରରେ ଗୁରୁବାର ସେକ୍ଟର-୨୧ ନୟାବଜାର ଉତ୍କଳମଣି ହୋମିଓପାଥିକ ମହାବିଦ୍ୟାଳୟ ତଥା ଚିକିତ୍ସାଳୟ ପରିସରରେ ଏକ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ମହାବିଦ୍ୟାଳୟ ଅଧ୍ୟକ୍ଷ ଶୁଭାଶିଷ ସେଠୀ, ପ୍ରଫେସର ଡା. ଅଜୟ ବିଶ୍ୱାଳ, ଡା. ଅନୀଲ ମିଶ୍ର, ଏସ୍‌ଓକ୍ଲ୍ୟୁସି ଉପଦେଷ୍ଟା ଅଶ୍ୱିନୀ ସାହୁ, ମହମ୍ମଦ ଅବଦୁଲ କରିମ, ଡା. ଅଳକାନନ୍ଦା ସ୍ୱାଇଁ, ଡା. ଶୋଭନ ସେଠୀ, ଡା. ଦିବାକର ଦଲେଇଙ୍କ ସମେତ ଅନ୍ୟ ଅଧ୍ୟାପିକା ଅଧ୍ୟାପକମାନେ ଉପସ୍ଥିତ ଥିଲେ। ଛାତ୍ର ମଙ୍ଗଳ ସମିତି ସଭାପତି ସନ୍ତୋଷ ସାହୁ, ସାଧାରଣ ସମ୍ପାଦକ ସ୍ମୃତିସାଗର ବଳ, ଏସ୍‌ଏସ୍‌ଜି ସମ୍ପାଦକ ତରୁଣ କୁମାର ପଣ୍ଡା ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ବିପିୟୁଟି, ନୟାବଜାର ଆଇନ କଲେଜ, ସରକାରୀ ସ୍ୱୟଂଶାସିତ କଲେଜ, ଓଏସ୍‌ଏପିର ସଦସ୍ୟମାନେ ସ୍ୱେଚ୍ଛାକୃତ ରକ୍ତଦାନ କରିଥିଲେ।

### କୈବର୍ତ୍ତ ମହାସଭାର ଚୈତ୍ର ମହୋତ୍ସବ

**ବରଗଡ଼,୧୦।୪(ପ୍ରେମାନନ୍ଦ ଖମାରୀ)**

ବରଗଡ଼ ଗୋବିନ୍ଦପାଲି ମହାଦେବ ମନ୍ଦିର କଲ୍ୟାଣ ମଣ୍ଡପ ପରିସରରେ ବୁଧବାର ଜିଲାସ୍ତରୀୟ କୈବର୍ତ୍ତ ମହାସଭା ପକ୍ଷରୁ ଚୈତ୍ର ମହୋତ୍ସବ ପାଳିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ବରଗଡ଼ ବିଧାୟକ ଅଶ୍ୱିନୀ ଷଡ଼ଙ୍ଗୀ ମୁଖ୍ୟ ଅତିଥି ଏବଂ ରାଜ୍ୟ କାର୍ଯ୍ୟକାରୀ ସଭାପତି ମନୋଜ ବେହେରା ମୁଖ୍ୟ ବକ୍ତା ଭାବେ ଯୋଗଦାନ କରିଥିଲେ। ସେହିପରି ବଲାଙ୍ଗୀର ଜିଲା ସଭାପତି କଂସାରୀ ନାୟକ, ସୋନପୁର ଜିଲା ସଭାପତି ପବିତ୍ର ସାହୁ ସମ୍ମାନିତ ଅତିଥି ଭାବେ ଉପସ୍ଥିତ ଥିଲେ। ଜିଲା କାର୍ଯ୍ୟକାରୀ ସଭାପତି ଦେବାର୍ଚ୍ଚନ ନାଏକ ସଭାପତିତ୍ୱ କରିଥିଲେ।

# ବଜ୍ରପାତ ଭୟ, ପ୍ରତିକାର ଟାର୍ଗେଟ ମନ୍ଥର

**ରାଉରକେଲା,୧୦।୪(ସଙ୍ଗୀତା ଜେନା)**

**ତାଳଗଛ ରୋପଣ ଅଭିଯାନର ସଫଳତା ନେଇ ପ୍ରଶ୍ନବାଚୀ**



ଓଡ଼ିଶାର ମୟୂରଭଞ୍ଜ, ସୁନ୍ଦରଗଡ଼ ଏବଂ କେନ୍ଦୁଝର ଜିଲାକୁ ବଜ୍ରପାତର ପ୍ରମୁଖ ସ୍ଥଳୀ ଭାବେ ବିବେଚନା କରାଯାଉଛି। ଗତ ଦଶନ୍ଧି ମଧ୍ୟରେ ଓଡ଼ିଶାରେ ବଜ୍ରପାତରେ ଅନେକ ଜୀବନ ଗଲାଣି। ଏହାକୁ ଦୃଷ୍ଟିରେ ରଖି ସଂରକ୍ଷିତ ଜଙ୍ଗଲ ପାର୍ଶ୍ୱରେ ବଜ୍ରପାତ ନିରୋଧୀ ବୃକ୍ଷ ଭାବେ ତାଳଗଛ ରୋପଣକୁ ସରକାର ଗୁରୁତ୍ୱ ଦେଇଛନ୍ତି। ଏହି କ୍ରମରେ ରାଉରକେଲା ବନ ବିଭାଗ ଅଧୀନରେ ତାଳଗଛ ରୋପଣ ଅଭିଯାନ ଆରମ୍ଭ ହେଲା। ତେବେ ଏହି ବୃକ୍ଷଚାରା ଅନ୍ୟ ବୃକ୍ଷ ଭଳି ବଞ୍ଚିବା କଷ୍ଟସାଧ୍ୟ ବୋଲି ଜଣାପଡ଼ିଛି। ଫଳରେ ତାଳଗଛ ରୋପଣ ଅଭିଯାନର ସଫଳତା ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଅପରପକ୍ଷେ ରାଜ୍ୟ ସରକାର ଦେଇଥିବା ଟାର୍ଗେଟ ପୂରଣ କରାଯାଇଥିବା ବନ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି।

ଗତ ଦୁଇ ଦଶନ୍ଧିରେ ଓଡ଼ିଶାରେ ବଜ୍ରପାତରେ ମୃତକଙ୍କ ମଧ୍ୟରୁ ଉକ୍ତ ୩ ଜିଲାରେ ୨୦ପ୍ରତିଶତ ରହିଛି। ରାଉରକେଲାର ଏକ ପ୍ରତିଷ୍ଠିତ ଶିକ୍ଷାନୁଷ୍ଠାନର ପରିବେଶ ବିଭାଗର ଜଣେ ବିଶେଷଜ୍ଞଙ୍କ ମତରେ ଖଣି କ୍ଷେତ୍ର ଏବଂ ଶିଳ୍ପଗୁଡ଼ିକରେ ସ୍ୱତନ୍ତ୍ର କଣିକା ଯୋଗୁ ବଜ୍ରପାତର ଆଶଙ୍କା ବୃଦ୍ଧି ପାଇଥାଏ। ସେହିପରି ଜଙ୍ଗଲ ନିଆଁ ମଧ୍ୟ ବଜ୍ରର ବୈଦ୍ୟୁତିକ ପ୍ରକ୍ରିୟାକୁ ପ୍ରଭାବିତ କରିଥାଏ। ତେବେ ବର୍ତ୍ତମାନ ବିକଶିତ ଟେକ୍ନୋଲୋଜି ଦ୍ୱାରା ଏହାର ପୂର୍ବାନୁମାନ କରାଯାଉଛି। ବଜ୍ରପାତର ସମ୍ଭାବ୍ୟ ସମୟ ବିପର୍ଯ୍ୟୟ ବିଭାଗ ପକ୍ଷରୁ ପ୍ରକାଶ କରାଯାଉଛି। ଏହାସତ୍ତ୍ୱେ ଜମିବାଡିରେ କାମ କରୁଥିବା ଲୋକମାନେ ଏହାର ଅଧିକ ଶିକାର ହୋଇଥାନ୍ତି ବୋଲି ବିଶେଷଜ୍ଞ କହିଥିଲେ। ସେହିପରି ଖଣିଖାଦାନ ପୂର୍ଣ୍ଣ ସୁନ୍ଦରଗଡ଼ ଜିଲାରେ ଗତ ୬ ବର୍ଷ ମଧ୍ୟରେ ପ୍ରାୟ ୫୦ ହଜାର ଥର ବଜ୍ରପାତ ହୋଇଛି। ସେଥିରେ ଗତ ୫ ବର୍ଷରେ ସୁନ୍ଦରଗଡ଼ ଜିଲାରେ ମୋଟ ୭୨ ଜଣ ପ୍ରାଣ ହରାଇଥିବା ଜଣାପଡ଼ିଛି। ଏହାକୁ ପ୍ରତିରୋଧ କରିବା ପାଇଁ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ଜଙ୍ଗଲରେ ତାଳଗଛ ରୋପଣ କରିବାକୁ ନିଷ୍ପତ୍ତି ନିଆଯାଇଥିଲା। ଫଳରେ ରାଉରକେଲା ବନ ବିଭାଗ ସଂରକ୍ଷିତ ଜଙ୍ଗଲ ସମେତ ବଣେଇ, ରାଜଗାଙ୍ଗପୁର, ସୁନ୍ଦରଗଡ଼ରେ ଲକ୍ଷାଧିକ ତାଳଗଛ ରୋପଣ କରାଗଲା। ରାଉରକେଲା ବନ ବିଭାଗ ଅନ୍ତର୍ଗତ ବାଙ୍କି ଫରେଷ୍ଟରେ ନରେନ୍ଦ୍ର ପର୍ଯ୍ୟନ୍ତ ପ୍ରାୟ ୩୦ ହଜାର ତାଳଗଛ ରୋପଣ କରାଗଲା। ହେଲେ ସେଗୁଡ଼ିକ ବଞ୍ଚିଛି କି ଶୁଖିଯାଇଛି ସେ ନେଇ ବନ ବିଭାଗ ପାଖରେ କୌଣସି ନିର୍ଦ୍ଦିଷ୍ଟ ତଥ୍ୟ ନାହିଁ।

ବିଶ୍ରା ଗ୍ରାମବାସୀଙ୍କ କହିବା ଅନୁସାରେ, ତାଳଗଛଗୁଡ଼ିକ ବଜ୍ରକୁ ଶୋଷଣ କରିଥାଏ। ଏଥିପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ଏହି ଅଭିଯାନ ଆରମ୍ଭ କରାଯାଇଥିଲା। ହେଲେ ଜଙ୍ଗଲରେ ତାଳଗଛର କୌଣସି ସତ୍ତା ଥିବା ଭଳି ପ୍ରତୀତ ହେଉନାହିଁ। ତାଳଗଛଗୁଡ଼ିକୁ ଠିକ୍ ଯତ୍ନ ନେଲେ ଗ୍ରାମାଞ୍ଚଳରେ ବଜ୍ରପାତ ଜନିତ ମୃତ୍ୟୁ କମ୍ ହୋଇପାରନ୍ତା ବୋଲି ଗ୍ରାମବାସୀ କହିଥିଲେ। ଏ ସମ୍ପର୍କରେ ରାଉରକେଲା ବନ ବିଭାଗର ଏସିଏଫ୍ ସୌମ୍ୟରଞ୍ଜନ ଗୋଚ୍ଛାୟତଙ୍କୁ ପଚରାଯିବାରୁ ସେ କହିଲେ, ଗତ ବର୍ଷା ମାସ ପରଠାରୁ ସଂରକ୍ଷିତ ଜଙ୍ଗଲ ଯଥା ବିଶ୍ରା, ରତୁବେଡା ଜଙ୍ଗଲର ସୀମାନ୍ତ ଅଞ୍ଚଳରେ ତାଳଗଛ ରୋପଣ କରାଯାଇଥିଲା। ଏଗୁଡ଼ିକର ସାଧାରଣତଃ ଯତ୍ନ ନେବାକୁ ପଡ଼ି ନ ଥାଏ। ଯାହା ଆପଣାଛାଏଁ ବଞ୍ଚିଯାଇଥାଏ। ଗଛ ପିଛା ୧୮ ଟଙ୍କା ଖର୍ଚ୍ଚ କରାଯାଉଛି। ରାଜ୍ୟରେ ୧୮ ଲକ୍ଷ ତାଳ ଗଛ ଲଗାଯାଇଥିବା ବେଳେ ସୁନ୍ଦରଗଡ଼ରେ ପ୍ରାୟ ୮୮ ହଜାର ଲଗାଯାଇଛି। ଉକ୍ତ ଗଛ ରୋପଣ କରାଗଲେ ମଧ୍ୟ ଏହାର ବଞ୍ଚିବା ହାର ୪୦ରୁ ୫୦ ପ୍ରତିଶତ। ଏହାର ପୁନଃ ଗଣନା କରାଯିବ ବୋଲି ଏସିଏଫ୍ ଗୋଚ୍ଛାୟତ କହିଥିଲେ।

# ସୀମାନ୍ତରେ ୫ ମାଓବାଦୀ ବଙ୍କର ଠାବ



ଠାବ ହୋଇଥିବା ବଙ୍କର।

**ରାଉରକେଲା,୧୦।୪(ସଙ୍ଗୀତା ଜେନା)**

ଓଡ଼ିଶା ସୀମାନ୍ତ ଝାଡଖଣ୍ଡରେ ମାଓବାଦୀ ଉପଦ୍ରବ ବୃଦ୍ଧି ପାଇବାରେ ଲାଗିଛି। ଗୁରୁବାର ସକାଳ ସାଢ଼େ ୬ଟା ସମୟରେ ସୁରକ୍ଷାବଳଙ୍କ କୋମ୍ବିଂ ସମୟରେ ଜରେଇକେଲା ଥାନା କୁଲପାବୁରୁ ଆଖାପାଖ ଅଞ୍ଚଳରେ ୫ଟି ମାଓବାଦୀ ବଙ୍କର ଠାବ କରାଯାଇଥିଲା। ଏହାକୁ ବମ୍ ନିରୋଧକ ସ୍କ୍ୱାଡ୍ ନଷ୍ଟ କରିଦେଇଛନ୍ତି। ଚାଇଁବାସା ପୋଲିସ, ଝାଡ଼ଖଣ୍ଡ ଜାଗୁଆର, କୋବ୍ରା ୨୦୩ ଏବଂ ୨୦୯ ବାଟାଲିୟନ୍ ତଥା ସିଆର୍‌ପିଏଫ୍ ୨୬, ୬୦, ୧୩୪, ୧୭୪, ୧୯୩ , ୧୯୭ ବାଟାଲିୟନ୍ ଏହାକୁ ଠାବ କରିଥିଲେ।

# ଲୋନ୍ ନାଁରେ ଠକେଇ, ଅଭିଯୁକ୍ତ ରାଜଧାନୀରୁ ଗିରଫ

**ଟେନ୍‌ସା,୧୦।୪(ସମୀର କୁମାର ପାଢ଼ୀ)**

ସୁନ୍ଦରଗଡ଼ ଜିଲା କୋଇଡା ଥାନା ଅଞ୍ଚଳରେ ସରକାରଙ୍କ କାମଧେନୁ ଯୋଜନାରେ ଲୋନ୍ ଦେବାକୁ କହି ଦୁଗ୍ଧଚାଷୀଙ୍କୁ ଠକେଇ ଅଭିଯୋଗରେ ପୋଲିସ ଗୁରୁବାର ଭୁବନେଶ୍ୱରରୁ ଅଭିଯୁକ୍ତଙ୍କୁ ଗିରଫ କରିଛି। ତାଙ୍କୁ କୋଇଡା ଅଣାଯିବା ପରେ ଅଧିକ ପଚରାଉଚୁରା କରାଯାଉଥିବା ପୋଲିସ କହିଛି।

ସୂଚନା ଅନୁଯାୟୀ, ଗତ ୮ତାରିଖରେ ଅଭିଯୁକ୍ତ ଜଣଙ୍କ କୋଇଡା ଅଞ୍ଚଳର ଜଣେ ଦୁଗ୍ଧଚାଷୀଙ୍କ ଘରକୁ ଯାଇଥିଲେ। ସରକାରଙ୍କ କାମଧେନୁ ଯୋଜନାରେ ୫ ଲକ୍ଷ ଟଙ୍କା ଲୋନ୍ କଲେ ୨ଲକ୍ଷ ସବ୍‌ସିଡି ମିଳିବ ବୋଲି କହି ସେ ନକଲି ଫର୍ମରେ ସମସ୍ତ ତଥ୍ୟ ସହ ଫର୍ମ ପିଛା ୭୦୦ ଟଙ୍କା ଆଦାୟ କରିଥିଲେ। ଏଭଳି ଭାବେ ଅଭିଯୁକ୍ତ କୋଇଡା ଅଞ୍ଚଳରୁ ପ୍ରାୟ ୩୫୦ଜଣଙ୍କଠାରୁ ଲୋନ୍ କରାଇ ଦେବାକୁ ଟଙ୍କା ଆଦାୟ କରିଥିଲେ ଏବଂ ଏହି ଲୋନ ଟଙ୍କା ଅଗଷ୍ଟ ମାସରେ ଟଙ୍କା ଆସିବ ବୋଲି କହୁଥିଲେ। ଏ ସମ୍ପର୍କରେ ଜଣେ ଦୁଗ୍ଧଚାଷୀ କୋଇଡା ପ୍ରାଣୀସମ୍ପଦ ଅଧିକାରୀ ଡା. ସୁଜିତ ବେହେରାଙ୍କୁ ଜଣାଇବାରୁ ସରକାରଙ୍କ ଏଭଳି କିଛି ଯୋଜନା ନ ଥିବା ସେ କହିଥିଲେ। ଏଥିସହ ପ୍ରାଣୀସମ୍ପଦ ଅଧିକାରୀ ବେହେରା ନିଜକୁ ଚାଷୀ ପରିଚୟ ଦେଇ ଅଭିଯୁକ୍ତଙ୍କଠାରୁ ସବୁ କଥା ଆଦାୟ କରିବା ପରେ ଥାନାଧିକାରୀଙ୍କୁ ଜଣାଇଥିଲେ। ତେବେ ତଦନ୍ତ ବେଳେ ଅଭିଯୁକ୍ତ ଜଣଙ୍କ ମିଛ ଯୋଜନା ନାଁରେ ଦୁଗ୍ଧଚାଷୀଙ୍କୁ ଠକୁଥିଲେ। ଏକ ମିଛ ୱେବସାଇଟ ଖୋଲି ୭ହଜାର ଟଙ୍କା ଦରମା ଦେବାକୁ ପ୍ରତିଶ୍ରୁତି ଦେଇ ଗାଁରୁ ମହିଳାମାନଙ୍କୁ ଭୁବନେଶ୍ୱର ନେଇ ମିଛ ଟ୍ରେନିଂ ଦେଉଥିଲେ ଏବଂ ସାର୍ଟିଫିକେଟ ଓ ଆଇଡି କାର୍ଡ ପ୍ରଦାନ କରୁଥିଲେ ବୋଲି ଜଣାପଡିଥିଲା। ପରେ କୋଇଡା ଥାନାର ଏକ ଟିମ୍ ଭୁବନେଶ୍ୱର ଯାଇ ଗୁରୁବାର ଅପରାହ୍ଣରେ ଅଭିଯୁକ୍ତଙ୍କୁ ଗିରଫ କରିଥିଲା। ତେବେ ଅଭିଯୁକ୍ତଙ୍କୁ ପଚରାଉଚୁରା କରାଯାଉଛି। ଏହି ଘଟଣାରେ ଅନ୍ୟମାନଙ୍କ ସମ୍ପୃକ୍ତି ନେଇ ମଧ୍ୟ ତଦନ୍ତ ଚାଲିଛି ବୋଲି ଥାନାଧିକାରୀ ମନୋରଞ୍ଜନ କୁମ୍ଭାର କହିଛନ୍ତି।

# ଲୋକକଳା ପାଇଁ ଦିନଟିଏ କାର୍ଯ୍ୟକ୍ରମ



କାର୍ଯ୍ୟକ୍ରମରେ ଉପସ୍ଥିତ ଅତିଥି ଓ ଅନ୍ୟମାନେ।

**ସୁନ୍ଦରଗଡ଼,୧୦।୪(ଜୟ ନାରାୟଣ ମେଣ୍ଡୁଲି)**

ଓଡ଼ିଆ ପକ୍ଷ ପାଳନର ଗୁରୁବାର ଦଶମ ଦିବସରେ ଲୋକକଳା ପାଇଁ ଦିନଟିଏ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ବଡ଼ଗାଁ ବ୍ଲକସ୍ଥିତ ଏକମା ଗ୍ରାମପଞ୍ଚାୟତ କଳାଗ୍ରାମଠାରେ ଲୋକକଳା ପାଇଁ ଦିନଟିଏ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଏଥିସହ ସମସ୍ତ ବ୍ଲକରେ ମଧ୍ୟ ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କ ତତ୍ତ୍ୱାବଧାନରେ 'ଲୋକକଳା ପାଇଁ ଦିନଟିଏ' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଜିଲାର ସମସ୍ତ ଲୋକକଳାର ସଂରକ୍ଷଣ, ପ୍ରଚାର ପ୍ରସାର ଉପରେ ଅତିଥିମାନେ ନିଜ ବକ୍ତବ୍ୟ ରଖିଥିଲେ। ସେହିଭଳି କଳାକାରଙ୍କ ବିକାଶ ଦିଗରେ ବିଶେଷ ଧ୍ୟାନ ଦିଆଯିବା ନେଇ ଆଲୋଚନା କରାଯାଇଥିଲା। ଓଡ଼ିଶାର ଲୋକକଳା ଏବଂ ଲୋକ ସଂସ୍କୃତିକୁ ବଜାୟ ରଖିବା ପାଇଁ ଆଜିର ଦିନଟିକୁ ଲୋକକଳା ପାଇଁ ଦିନଟିଏ ଭାବେ ପାଳନ କରାଯାଉଛି। ସମସ୍ତେ ଏକତ୍ରିତ ହୋଇ ଆମ ପରମ୍ପରା, ଆମ ସଂସ୍କୃତି ଓ ଆମ ଲୋକକଳା ପାଇଁ ଏହି ଦିନଟିକୁ ଉତ୍ସର୍ଗ କରିବା ଆବଶ୍ୟକ ବୋଲି କହିଥିଲେ। ଏହି ଅବସରରେ କଳାକାରମାନେ ପାରମ୍ପରିକ ବାଦ୍ୟ ଯନ୍ତ୍ର ବଜାଇ, ଗୀତ ଗାଇ ବିଭିନ୍ନ ଲୋକ ନୃତ୍ୟ ପରିବେଷଣ କରିଥିଲେ। ଏହି ଅବସରରେ ଜିଲାର ସମସ୍ତ ବରିଷ୍ଠ ଲୋକ କଳାକାରଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ରାଜ୍ୟ ସରକାରଙ୍କ ଏହି ଅଭିନବ ପଦକ୍ଷେପ କଳାକାରମାନଙ୍କୁ ଉତ୍ସାହିତ କରିବା ସହିତ ଲୋକକଳାର ପ୍ରଚାର ପ୍ରସାର ପାଇଁ ଅଧିକ ପ୍ରେରଣା ଯୋଗାଇଛି ବୋଲି ବରିଷ୍ଠ କଳାକାରମାନେ ମତ ରଖିଥିଲେ।

# ଲକ୍ଷ୍ମୀବସ୍‌କୁ ଧକ୍କା ଦେଲା ହାଇୱା

**ହେମଗିର,୧୦।୪(ଚୈତନ୍ୟ ପଟେଲ)**

ସୁନ୍ଦରଗଡ଼ ଜିଲା ଲେଫ୍ରିପଡା ଥାନା ଅନ୍ତର୍ଗତ ଛଟେନପାଲି ନିକଟରେ ଗୁରୁବାର ଲକ୍ଷ୍ମୀ ବସକୁ ୧୮ ଚକିଆ ହାଇୱା ଧକ୍କା ଦେଇଥିଲା। ବଡ଼ ଅଘଟଣରୁ ଯାତ୍ରୀମାନେ ବର୍ତ୍ତି ଯାଇଥିଲା ବେଳେ ବସର ପଛପଟ ଭାଙ୍ଗି ଯାଇଛି। ଘଟଣା ସ୍ଥଳରେ ଉତ୍ତେଜନା ପ୍ରକାଶ ପାଇବା ସହ ଟ୍ରକକୁ ଅଟକା ଯାଇଥିଲା। ପରେ ବସର ମ୍ୟାନେଜର ଘଟଣାସ୍ଥଳରେ ପହଞ୍ଚି ଟ୍ରକ ଡ୍ରାଇଭରଙ୍କ ସହ ଆଲୋଚନା କରିବା ପରେ ଟ୍ରକକୁ ଛାଡିଥିଲେ। ମିଳିଥିବା ସୂଚନା ଅନୁସାରେ, ରାଉରକେଲାଠାରୁ ହେମଗିରକୁ ଫେରୁଥିବା ଲକ୍ଷ୍ମୀ ବସ ( ନଂ.ଓଡି ୧୬ଏଲ ୮୪୧୫)କୁ ଏକ ୧୮ଚକିଆ ହାଇୱା(ନଂ.ସିଜି ୧୨ବିକେ ୫୭୭୨) ଛଟେନପାଲି ନିକଟରେ ପଛପଟୁ ଧକ୍କା ଦେଇଥିଲା।

# ଭେଣ୍ଡିଂ ଜୋନ୍‌ରେ ବେଆଇନ ନିଶା କାରବାର

**ରାଉରକେଲା,୧୦।୪(ଦିନେଶ ମିଶ୍ର)**

- ମାର୍କେଟ ପରିସରରେ ଗଦା ଗଦା ମଦ ବୋତଲ
- ନିଶାଦ୍ରବ୍ୟ କବଳରେ କଲେଜ ପିଲା

ରାସ୍ତାକଡର ଉଠା ବ୍ୟବସାୟୀମାନଙ୍କୁ ଥଇଥାନ କରିବା ପାଇଁ ରାଉରକେଲା ମ୍ୟୁନିସିପାଲ କର୍ପୋରେଶନ (ଆରଏମ୍‌ସି) ପକ୍ଷରୁ ବିଭିନ୍ନ ସ୍ଥାନରେ ଭେଣ୍ଡିଂ ଜୋନ୍ ନିର୍ମାଣ କରାଯାଇଛି। ଏହି ଭେଣ୍ଡିଂ ଜୋନ୍‌ରେ ବ୍ୟବସାୟ କରି ଲୋକେ ଆତ୍ମନିର୍ଭରଶୀଳ ହେବା ପାଇଁ ଋଣ ବ୍ୟବସ୍ଥା ସାଙ୍ଗକୁ ସରକାରୀ ସହାୟତା ଯୋଗାଇ ଦିଆଯାଉଛି। ତେବେ ଏହାର ସୁଯୋଗ ନେଇ କିଛି ଅସାଧୁ ବ୍ୟବସାୟୀ ପାନ ଚା' ଦୋକାନ ନାଁରେ ବେଆଇନ ଭାବେ ବିଭିନ୍ନ ନିଶାଦ୍ରବ୍ୟ ବିକ୍ରି କରୁଛନ୍ତି। ରାଉରକେଲା ପାୱାରହାଉସ୍ ରୋଡ୍ ସ୍ଥିତ ଭେଣ୍ଡିଂ ଜୋନ୍ ମାର୍କେଟ କମ୍ପ୍ଲେକ୍ସରେ ଏଭଳି ଦେଖିବାକୁ ମିଳିଛି। ଏହି ଭେଣ୍ଡିଂ ଜୋନ୍‌ରେ ଦୋକାନ ଗୃହ ଓ ପିଣ୍ଡିକୁ ମିଶାଇ ସମୁଦାୟ ୪୫ଟି ଦୋକାନ ରହିଛି। ସ୍ଥାନୀୟ ଅଞ୍ଚଳର ବହୁ ରାସ୍ତାକଡ଼ ବ୍ୟବସାୟୀ ଭେଣ୍ଡିଂ ଜୋନ୍‌ରେ ଦୋକାନ ପାଇ ବ୍ୟବସାୟ କରୁଛନ୍ତି। ମାତ୍ର ବହୁ ବ୍ୟବସାୟୀ ଭେଣ୍ଡିଂ ଜୋନ୍‌ରେ ଦୋକାନ ହାତେଇବା ପରେ ମଧ୍ୟ ପୂର୍ବଭଳି ରାସ୍ତାକଡ଼ରେ ବସି ବ୍ୟବସାୟ କରୁଛନ୍ତି। ଅନ୍ୟପକ୍ଷେ ସେମାନଙ୍କୁ ମିଳିଥିବା ଦୋକାନକୁ ଭଡା ଦେଇଛନ୍ତି। ସେମାନଙ୍କ ମଧ୍ୟରୁ ୧୦ ଜଣ ଭେଣ୍ଡିଂ ଜୋନ୍ ମାର୍କେଟ ଭିତରେ ବ୍ୟବସାୟ କରୁଥିବାବେଳେ ଅଧିକାଂଶ ଜଳଖିଆ ନଚେତ ପାନ ଓ ଚା' ଦୋକାନ ଖୋଲିଛନ୍ତି। ଏହି ଦୋକାନରେ ଗଞ୍ଜେଇ, ଗୋଗୋ ସିଗାରେଟ ସାଙ୍ଗକୁ ଧଳା ପାଉଡର ବିକ୍ରି କରାଯାଉଥିବା ଅଭିଯୋଗ ହୋଇଛି। ଭେଣ୍ଡିଂ ଜୋନ୍‌ରେ ବହୁ ଦୋକାନ ବନ୍ଦ ପଡି ରହିଥିବାରୁ ଏଠାରେ ବିଭିନ୍ନ ସମୟରେ ଅସାମାଜିକ ଯୁବକଙ୍କ ଆଡ୍ଡା ଜମୁଛି। ସେମାନେ ମଦ୍ୟପାନ କରି ମାର୍କେଟ ପରିସରରେ ଏଣେତେଣେ ବୋତଲ ପକାଉଛନ୍ତି। ସେହିପରି ଭେଣ୍ଡିଂ ଜୋନ୍ ନିକଟରେ ଶିକ୍ଷାନୁଷ୍ଠାନ ରହିଥିବାରୁ ଅଧିକାଂଶ ସମୟରେ ପିଲାମାନେ ସେଠାରେ ନିଶାଦ୍ରବ୍ୟ ସେବନ କରୁଥିବା ଦେଖିବାକୁ ମିଳିଛି। ଏ ନେଇ ସ୍ଥାନୀୟ ପୋଲିସ ପ୍ରଶାସନ ପକ୍ଷରୁ ସେଭଳି କୌଣସି ଆଖିଦୃଷ୍ଟିଆ ପଦକ୍ଷେପ ନିଆଯାଉ ନ ଥିବା ଅଭିଯୋଗ ହେଉଛି।

ଏ ନେଇ ପ୍ଲାଣ୍ଟସାଇଟ୍ ଥାନାଧିକାରୀ ବିଭସ ପ୍ରଧାନଙ୍କୁ ପଚାରିବାରୁ ସେ କହିଥିଲେ, ପାୱାରହାଉସ୍ ଭେଣ୍ଡିଂ ଜୋନ୍‌ରେ ଅସାମାଜିକ ଯୁବକଙ୍କ ଆଡ୍ଡା ଜମୁଥିବା ନେଇ ଆମ ପାଖରେ ଖବର ରହିଛି। ରାମନବମୀ ପାଇଁ ଆମେ କାର୍ଯ୍ୟବ୍ୟସ୍ତ ଥିଲୁ। ଆଗାମୀ ଦିନରେ ଏଥିପ୍ରତି ଆମେ ସଜାଗ ରହିବୁ। ଖୁବ୍‌ଶୀଘ୍ର ଉକ୍ତ ଭେଣ୍ଡିଂ ଜୋନ୍‌ରେ ବେଆଇନ ନିଶା ସାମଗ୍ରୀ କାରବାର ଉପରେ ଚଢାଉ କରି କାର୍ଯ୍ୟାନୁଷ୍ଠାନ ନେବୁ ବୋଲି ପ୍ରଧାନ କହିଥିଲେ।

# ବିବାହର ପ୍ରତିଶ୍ରୁତି ଦେଇ ପ୍ରତାରଣା

**ସୁନ୍ଦରଗଡ଼,୧୦।୪(ଜୟ ନାରାୟଣ ମେଣ୍ଡୁଲି)**

**ଅଭିଯୁକ୍ତ ଗିରଫ**

ସୁନ୍ଦରଗଡ଼ ସଦର ଥାନା ଅନ୍ତର୍ଗତ ଭେଡାବାହାଲ ଗ୍ରାମର ଜଣେ ଯୁବତୀଙ୍କୁ ବିବାହର ପ୍ରତିଶ୍ରୁତି ଦେଇ ଜଣେ ଯୁବକ ତାଙ୍କ ସହିତ ଶାରିରୀକ ସମ୍ପର୍କ ରଖି ପରବର୍ତ୍ତୀ ସମୟରେ ପ୍ରତାରଣା ଦେଉଥିଲେ। ଗୁରୁବାର ପୀଡିତା ଜଣକ ଏନେଇ ସଦରଥାନାରେ ଲିଖିତ ଅଭିଯୋଗ କରିବା ପରେ ପୋଲିସ ମାମଲା ନଂ.୧/୨୫ ରୁଜୁ କରି ଅଭିଯୁକ୍ତ ଚନ୍ଦ୍ରମଣି ଦେଓ (୨୨)ଙ୍କୁ ଗିରଫ କରିଛି। ଏହି ମାମଲାକୁ ପୋଲିସ ଧରୁଆଡ଼ିହି ଥାନାକୁ ସ୍ଥାନାନ୍ତର କରିଥିବା ଥାନା ଅଧିକାରୀ ଦାୟିତ୍ୱରେ ଥିବା ଆଇପିଏସ ଶିକ୍ଷାନବୀସ ଅନନ୍ୟା ଅଗସ୍ତି ସୂଚନା ଦେଇଛନ୍ତି।

ପୋଲିସ ସୂଚନା ଅନୁଯାୟୀ, ପୀଡିତାଙ୍କ ବଡ଼ ଭଉଣୀଙ୍କ ଶାଶୁଘର ଧରୁଆଡ଼ିହି ଥାନା ଅନ୍ତର୍ଗତ କୁଲଟା ଗ୍ରାମରେ। ଭଉଣୀ ଘରକୁ ଯିବା ଆସିବା ଭିତରେ ପୀଡିତାଙ୍କ ସହ ପଡୋଶୀ ଚନ୍ଦ୍ରମଣିଙ୍କ ପ୍ରେମ ସମ୍ପର୍କ ଗଢ଼ି ଉଠିଥିଲା। ଚନ୍ଦ୍ରମଣି ତାଙ୍କୁ ବିବାହ କରିବାର ମିଥ୍ୟା ପ୍ରତିଶ୍ରୁତି ଦେଇ ବାରମ୍ବାର ଶାରୀରିକ ସମ୍ପର୍କ ରଖି ଆସୁଥିଲେ। ପରେ ଏହି ଘଟଣା ପ୍ରଘଟ ହେଲାପରେ ଯୁବତୀଙ୍କୁ ବିବାହ ପାଇଁ ଚନ୍ଦ୍ରମଣି ଧରାଛୁଆଁ ଦେଲେ ନାହିଁ। ପରବର୍ତ୍ତୀ ସମୟରେ ଉଭୟ ପରିବାର ପକ୍ଷରୁ ଏକ ଲିଖିତ ଚୁକ୍ତିନାମା ଅନୁଯାୟୀ ଚନ୍ଦ୍ର ମଣି ତାଙ୍କୁ ଶୀଘ୍ର ବିବାହ ପାଇଁ ପ୍ରତିଶ୍ରୁତି ଦେଇଥିଲେ। କିନ୍ତୁ ମାସ ମାସ ଧରି ସମୟ ଗଡିଯିବା ପରେ ଚନ୍ଦ୍ରମଣି ଏଥିରେ ଆଉ ରାଜି ହୋଇ ନ ଥିଲେ। ଓଲଟା ଯୁବତୀଙ୍କୁ ଜୀବନରୁ ମାରିଦେବାକୁ ଧମକ ଦେଇ ଆସୁଥିଲେ।

# ୫ଦଫା ଦାବିରେ ଆନ୍ଦୋଳନ

**ହେମଗିର,୧୦।୪(ଚୈତନ୍ୟ ପଟେଲ)**

ସୁନ୍ଦରଗଡ଼ ଜିଲା ହେମଗିର ଥାନା ଅନ୍ତର୍ଗତ ଲୁଆବାହାଲ ଛକଠାରେ ବାଙ୍କିବାହାଲ-ଟପରିଆ ରାସ୍ତାର ବିଭିନ୍ନ ସମସ୍ୟା ସମାଧାନ ନେଇ ୫ଦଫା ଦାବିରେ ଗୁରୁବାର ସକାଳ ୮ଟାରୁ ଜନଶକ୍ତି ବିକାଶ ପରିଷଦ ପକ୍ଷରୁ ରାସ୍ତାରୋକୋ କରି ଆନ୍ଦୋଳନ କରାଯାଇଥିଲା। କୋଇଲା ପରିବହନ ପାଇଁ ସ୍ୱତନ୍ତ୍ର କୋଲ୍ କରିଡର ରାସ୍ତା ନିର୍ମାଣ କରିବା, ରାସ୍ତା ନିର୍ମାଣ ହେବା ପର୍ଯ୍ୟନ୍ତ ସକାଳ ୬ଟାରୁ ରାତି ୯ଟା ପର୍ଯ୍ୟନ୍ତ ନୋ ଏଣ୍ଟ୍ରି ରଖିବା, ଫାରା ସ୍କିମ୍ରେ ଦୁର୍ଘଟଣା ସହାୟତା କ୍ଷତିପୂରଣ ରାଶି ୫୦ ଲକ୍ଷକୁ ବୃଦ୍ଧି କରିବା, ଜିଲାପାଳ ଓ ଉପଜିଲାପାଳ ବୈଠକ ବିବରଣୀ ତୁରନ୍ତ କାର୍ଯ୍ୟକାରୀ କରିବା, ପ୍ରଦୂଷଣଜନିତ କଳାଧାନର କ୍ଷତିପୂରଣ ତୁରନ୍ତ ପ୍ରଦାନ କରିବା ଓ ପ୍ରଦୂଷଣ ନିୟନ୍ତ୍ରଣ ପାଇଁ ତୁରନ୍ତ ପଦକ୍ଷେପ ଗ୍ରହଣ କରିବା ଆଦି ଦାବିକୁ ନେଇ ଆନ୍ଦୋଳନ କରିଥିଲେ। ପରେ ହେମଗିର ତହସିଲଦାର ସାରିକା ରାଣୀ ଧମେଲ ଧାରଣା ସ୍ଥଳରେ ପହଞ୍ଚି ଆନ୍ଦୋଳନକାରୀଙ୍କୁ ବୁଝାଶୁଝା କରିବା ସହିତ ଦାବିଗୁଡ଼ିକ ସମ୍ପର୍କରେ ଆଲୋଚନା କରିଥିଲେ। ଶୁକ୍ରବାର ବିଭିନ୍ନ କମ୍ପାନୀଗୁଡିକ ସହିତ ଏହି ଦାବି ଉପରେ ଆଲୋଚନା କରିବାର ପ୍ରତିଶ୍ରୁତି ଦେବା ପରେ ଲୋକେ ରାସ୍ତାରୋକୋରୁ ଓହରିଥିଲେ। ଏହି ଆନ୍ଦୋଳନରେ ରାଜେନ୍ଦ୍ର ନାଏକ, ବଜେନ୍ଦ୍ର ପ୍ରଧାନ, ଶୁକଦେବ ପ୍ରଧାନ ପ୍ରମୁଖ ସାମିଲ ଥିଲେ।




ଲୁଆବାହାଲ ଛକଠାରେ ଆନ୍ଦୋଳନକାରୀମାନେ ବସିଛନ୍ତି।

# ମହୁଲଫୁଲ ଉପଯୁକ୍ତ ମୂଲ୍ୟରେ କ୍ରୟ କରିବାକୁ ଦାବି

**ବଡ଼ଗାଁ,୧୦।୪(ଅଶୋକ ଷଡ଼ଙ୍ଗୀ)**

ସୁନ୍ଦରଗଡ଼ ଜିଲାର ମୁଖ୍ୟତଃ ଆଦିବାସୀମାନେ ମହୁଲଫୁଲ, ଚାର, ଡୁରି ଆଦି ବନ୍ୟଜାତ ଦ୍ରବ୍ୟ ସଂଗ୍ରହ କରି ବିକ୍ରି କରିଥାନ୍ତି। ଏହି ଆୟ ତାଙ୍କ ପରିବାର ପ୍ରତିପୋଷଣରେ ସହାୟକ ହୋଇଥାଏ। ହେଲେ ମହୁଲଫୁଲର ଉଚିତ ମୂଲ୍ୟ ପାଉନଥିବା ଓ କିଣାବିକାକୁ ସୁବ୍ୟବସ୍ଥିତ କରାଯାଇନଥିବାରୁ ଅତି କମ ମୂଲ୍ୟରେ ଲୋକେ ବିକ୍ରି କରିବାକୁ ବାଧ୍ୟ ହେଉଛନ୍ତି। ଏହାସହିତ ନିର୍ଦ୍ଦିଷ୍ଟ କେତେଜଣ ବ୍ୟବସାୟୀ ଅଞ୍ଚଳରେ କିଲୋପ୍ରତି ମାତ୍ର ୨୦ରୁ ୩୦ ଟଙ୍କାରେ ମହୁଲଫୁଲ କିଣୁଥିବାରୁ ବିକ୍ରେତାମାନେ କ୍ଷତିରେ ପଡୁଛନ୍ତି। ମହୁଲଫୁଲକୁ କୌଣସି ବ୍ୟବସାୟୀଙ୍କ ପାଖକୁ ନେଲାବେଳେ ଅବକାରୀ ବିଭାଗ କର୍ମଚାରୀମାନେ ଜବତ କରୁଛନ୍ତି। ଏହାକୁ ବିରୋଧ କରି ଗୁରୁବାର ପୂର୍ବାହ୍ଣରେ ଜିଲା ପରିଷଦ 'ଖ'ର ଗ୍ରାମବାସୀମାନେ ସାହାଜବାହାଲ ବଜାରଦାଣ୍ଡଠାରେ ବୈଠକ କରି ମହୁଲଫୁଲ ଉପଯୁକ୍ତ ମୂଲ୍ୟରେ କ୍ରୟ ଓ କିଣାବିକାକୁ ସୁବ୍ୟବସ୍ଥିତ କରିବା ପାଇଁ ଆଲୋଚନା କରିବା ସହ ଏ ସମ୍ବନ୍ଧରେ ସେମାନେ ମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର ପ୍ରେରଣ କରିଛନ୍ତି। ସେଥିରେ ଦର୍ଶାଯାଇଛି ଯେ, ବଡ଼ଗାଁ ଅଞ୍ଚଳର ଗରିବ ପରିବାର ଓ ମୁଖ୍ୟତଃ ଆଦିବାସୀଙ୍କ ଜୀବନ ଜୀବିକାର ଏକ ପ୍ରମୁଖ ସ୍ରୋତ ବନ୍ୟଯାତ ଦ୍ରବ୍ୟ। ଏହି ମହୁଲଫୁଲ ବିକ୍ରିକରି ଆଦିବାସୀ ଓ ଗରିବ ପରିବାର ଗୁଡ଼ିକ ପରିବାରର ଆବଶ୍ୟକତା ପୂରଣ କରିଥାନ୍ତି। ହେଲେ ଏହି ମହୁଲଫୁଲ ବିକ୍ରି କରିବା ପାଇଁ ସମସ୍ୟାରେ ପଡୁଥିବା ଓ ଉଚିତ ମୂଲ୍ୟ ପାଉନଥିବା ଅଭିଯୋଗ ହୋଇଛି। ଝାଡ଼ଖଣ୍ଡ ଓ ଛତିଶଗଡ଼ ରାଜ୍ୟରେ ମହୁଲଫୁଲ କିଣାବିକାରେ କଟକଣା ନ ଥିବାବେଳେ ଓଡ଼ିଶାରେ କଟକଣା ରହିଛି। ଏହାକୁ ପ୍ରତ୍ୟାହାର କରି ମହୁଲାଫୁଲ କ୍ରୟ କରିବା ପାଇଁ ସୁବ୍ୟବସ୍ଥା କରିବାକୁ ଦାବି କରାଯାଇଛି। ସରକାର ମୂଲ୍ୟ ନିର୍ଦ୍ଧାରଣ କରିବା ଓ ବିକ୍ରେତା ଉଚିତ ମୂଲ୍ୟ ପାଇଲେ କି ନାହିଁ ତାହାକୁ ନିଶ୍ଚିତ କରିବା ଦିଗରେ ପଦକ୍ଷେପ ନେବା ଆବଶ୍ୟକ। ମହୁଲଫୁଲ କ୍ରୟ ବ୍ୟବସ୍ଥାରେ ନିର୍ଦ୍ଦିଷ୍ଟ କେତେଜଣଙ୍କୁ କେବଳ ସୁଯୋଗ ମିଳୁଥିବାରୁ ବେପାରୀମାନେ କମ ମୂଲ୍ୟରେ କିଣୁଥିବା କୁହାଯାଇଛି। ତେବେ ସରକାରଙ୍କ ଦ୍ୱାରା ମୂଲ୍ୟ ନିର୍ଦ୍ଧାରଣ, କ୍ରୟ ଏବଂ ବିକ୍ରୟକୁ ସୁବ୍ୟବସ୍ଥିତ କଲେ ଗରିବ ପରିବାର ଉଚିତ ମୂଲ୍ୟ ପାଇପାରିବେ।



ଚାଷୀମାନେ ବୈଠକ କରୁଛନ୍ତି।

## ବ୍ରାହ୍ମଣ ବାଳକଙ୍କ ନିଃଶୁଳ୍କ ଯଜ୍ଞୋପବିତ ସଂସ୍କାର

ଝାରସୁଗୁଡ଼ା,(ଆଶିଷ ରଞ୍ଜନ ଦାଶ): ଝାରସୁଗୁଡ଼ା ସହର ସରବାହାଲସ୍ଥିତ ଶ୍ରୀ ଜଗନ୍ନାଥ ମନ୍ଦିରରେ ଜିଲା ବ୍ରାହ୍ମଣ ସମାଜ ପକ୍ଷରୁ ୨୦ଜଣ ବ୍ରାହ୍ମଣ ବାଳକଙ୍କ ନିଃଶୁଳ୍କ ଯଜ୍ଞୋପବିତ ସଂସ୍କାର କର୍ମ ଗୁରୁବାର ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ପୁରୋହିତ ପଣ୍ଡିତ ପ୍ରଭାତ କୁମାର ମିଶ୍ର, ମୁଖ୍ୟ ଆଚାର୍ଯ୍ୟ ବୈରାଗୀ ଚରଣ ଆଚାର୍ଯ୍ୟ ଓ ୧୪ଜଣ ସହଯୋଗୀ ବ୍ରତୋପୋନୟନ କର୍ମ ସମାପିତ କରିଥିଲେ। ସମାଜ ସଭାପତି ରବିନ୍ଦ୍ର ଦୀକ୍ଷିତ, ସାଧାରଣ ସମ୍ପାଦକ ହିମାଂଶୁ ଶେଖର ବଡ ପଣ୍ଡା, ଆଦିତ୍ୟ ପୂଜାରୀ, ପ୍ରଦୀପ ପୂଜାରୀଙ୍କ ତତ୍ତ୍ୱାବଧାନରେ ଜଗନ୍ନାଥ ମନ୍ଦିର କମିଟି ସହଯୋଗ କରିଥିଲେ। ଏଥିରେ ବିଧାୟକ ଟଙ୍କଧର ତ୍ରିପାଠୀ, ପୂର୍ବତନ ବିଧାୟିକା ଦୀପାଳି ଦାସ ଯୋଗଦେଇଥିଲେ।

### ସଂକ୍ଷେପରେ

## ବୁରୋମାଲ ପଡ଼ାବାସୀ ପାଣି ପାଇଁ ଡହଳବିକଳ

ଝାରସୁଗୁଡ଼ା,୧୦।୪(ଆଶିଷ ରଞ୍ଜନ ଦାଶ)

ଝାରସୁଗୁଡ଼ା ପୌର ପରିଷଦର ୨୧ ନଂ. ୱାର୍ଡ ବୁରୋମାଲବାସୀ ପାଣି ବୁନ୍ଦାଏ ପାଇଁ ଡହଳବିକଳ ହେଉଥିବା ସହିତ ଜଳ ସଙ୍କଟ ହେବା ଅଭିଯୋଗ ହେଉଛି। ଗତ କିଛି ଦିନ ହେବ ସହର ସମେତ ଆଖପାଖ ଅଞ୍ଚଳରେ ଗ୍ରୀଷ୍ମ ପ୍ରବାହ ଜାରି ରହିଥିବା ବେଳେ ଲୋକେମାନେ ଗରମ ଓ ଗୁଳଗୁଳି ପାଇଁ ବହୁତ ଅସୁବିଧା ସମ୍ମୁଖୀନ ହେଉଥିବା ଦେଖିବାକୁ ମିଳୁଛି। ଗତ ସୋମବାର ଝାରସୁଗୁଡ଼ା ଓଡ଼ିଶାର ସବୁଠାରୁ ଉତ୍ତପ୍ତ ସହର ହୋଇଥିବା ବେଳେ ଆଗକୁ ଖରା ଆହୁରି ବି ବୋଲି ପାଣିପାଗ କାର୍ଯ୍ୟାଳୟରୁ ସୂଚନା ମିଳୁଛି। ରୋମାଲରେ ଦୁଇଟି ନଳକୂପ ଅଚଳ ହୋଇପଡିଥିବା ବେଳେ ଗତ ୧୨ ଦିନ ହେବ ପିଏଚଡିରେ ପାଣି ଆସୁ ନ ଥିବା ରୋମାଲବାସୀ କହୁଛନ୍ତି। ଏହାର ସ୍ଥାୟୀ ସମାଧାନ ନ କଲେ ରାଜରାସ୍ତାକୁ ଲୋକେ ଓହ୍ଲାଇବେ ବୋଲି ବୁରୋମାଲବାସୀ ଚେତାବନୀ ଦେଇଛନ୍ତି।

## ଆସ ବହିଟିଏ କିଣିବା କାର୍ଯ୍ୟକ୍ରମ

ଝାରସୁଗୁଡ଼ା,୧୦।୪(ଆଶିଷ ରଞ୍ଜନ ଦାଶ)

ଓଡ଼ିଆ ପକ୍ଷ ପାଳନ ଅବସରରେ ଝାରସୁଗୁଡା ସହରସ୍ଥିତ ଲକ୍ଷ୍ମୀନାରାୟଣ ମହାବିଦ୍ୟାଳୟଠାରେ 'ଆସ ବହିଟିଏ କିଣିବା' କାର୍ଯ୍ୟକ୍ରମ ବୁଧବାର ଅନୁଷ୍ଠିତ ହୋଇଟାଇଛି। ଇଣ୍ଟରନେଟ ଯୁଗରେ ଯଦିଓ ଛପା ପୁସ୍ତକର ଚାହିଦା କମି ଯାଉଛି, ତଥାପି ପୁସ୍ତକର ବିକଳ୍ପ ନାହିଁ। ଆଜି ମଧ୍ୟ ପୁସ୍ତକ ପ୍ରତି ଆଗ୍ରହ, ଭାଷା, ସଂସ୍କୃତି, ଜାତିର ଇତିହାସ, ପରମ୍ପରା ଉପରେ ଛାତ୍ରୀଛାତ୍ରମାନଙ୍କ ଇଚ୍ଛା ବଳବତ୍ତର ରହିଛି ବୋଲି ଅତିଥିମାନେ ଆସ ବହିଟିଏ କିଣିବା' କାର୍ଯ୍ୟକ୍ରମରେ କହିଛନ୍ତି। ଝାରସୁଗୁଡାର ପ୍ରତିଷ୍ଠିତ ପୁସ୍ତକ ବିକ୍ରେତା ଓମ୍ ପ୍ରକାଶ ଅଗ୍ରୱାଲଙ୍କ ସହଯୋଗରେ ଅନୁଷ୍ଠାନ ପରିସରରେ ଏକ ପୁସ୍ତକ ପ୍ରଦର୍ଶନୀ ଓ ବିକ୍ରୟ ବ୍ୟବସ୍ଥା ହୋଇଥିଲା। କାର୍ଯ୍ୟକ୍ରମ ଆନୁଷ୍ଠାନିକ ଭାବେ ବରିଷ୍ଠ ଅର୍ଥନୀତି ପ୍ରାଧ୍ୟାପକ ତପନ କୁମାର ବାରିକ, ପ୍ରାଧ୍ୟାପିକା ପୂର୍ଣ୍ଣିମା ମୟୀଦାଶ, ପ୍ରାଧ୍ୟାପିକା ଡ. ସ୍ୱର୍ଣ୍ଣମୟୀ ପୁରୋହିତ ଓ ଓମ ପ୍ରକାଶ ଅଗ୍ରୱାଲ ଉଦ୍‌ଘାଟନ କରିଥିଲେ। ଏହି ଅବସରରେ ଅନେକ ଦୁର୍ଲଭ ପୁସ୍ତକ ବିଶେଷ ଭାବେ ଓଡ଼ିଶାର ଇତିହାସ, ପରମ୍ପରା, ସଂସ୍କୃତି, ମହାପୁରୁଷଙ୍କ ଜୀବନୀ ଉପରେ ପ୍ରଦର୍ଶିତ ହୋଇଥିଲା। କାର୍ଯ୍ୟକ୍ରମ ଓଡ଼ିଆ ଅଧ୍ୟାପକ ଡ. ଲାଲଧାରୀ ସିଂ ଓ ହିନ୍ଦି ଅଧ୍ୟାପକ ଡ. ମନୀଷ କୁମାର ଦ୍ୱିବେଦୀ ସଂଯୋଜନା କରିଥିଲେ।

## ଅମାପାଲି ମନ୍ଦିର ପ୍ରତିଷ୍ଠା ଉତ୍ସବ ସମାପନ


ନବ ନିର୍ମିତ ହନୁମାନ ମନ୍ଦିର।

ଲଖନପୁର,୧୦।୪(ଗୌତମ ସାହୁ)

ଝାରସୁଗୁଡ଼ା ଜିଲା ଲଖନପୁର ବ୍ଲକ ସୀମାନ୍ତ ପିଥିଣ୍ଡା ଅନ୍ତର୍ଗତ ଅମାପାଲି ଗାଁରେ ଚାଲିଥିବା ହନୁମାନ ଓ ଶନି ମନ୍ଦିର ପ୍ରତିଷ୍ଠା ଉତ୍ସବ ଆନନ୍ଦ ଉଲ୍ଲାସର ସହିତ ଗୁରୁବାର ସନ୍ଧ୍ୟାରେ ସମାପନ ହୋଇଯାଇଛି। ପ୍ରତିଷ୍ଠା ପାଇଁ ଗତ ଶନିବାର ସନ୍ଧ୍ୟାରେ ଭବ୍ୟ କଳସ ଯାତ୍ରା ହୋଇଥିବା ବେଳେ ରବିବାରଠାରୁ ବୁଧବାର ପର୍ଯ୍ୟନ୍ତ ବିଭିନ୍ନ ପୂଜା କାର୍ଯ୍ୟ ସମ୍ପାଦନ ପରେ ଗୁରୁବାର ବିଗ୍ରହଙ୍କ ମନ୍ଦିର ପ୍ରବେଶ ସହିତ ପୂର୍ଣ୍ଣାହୁତି ହୋଇଥିଲା। ପ୍ରତିଷ୍ଠା ଉତ୍ସବ ଉପଲକ୍ଷେ ଗ୍ରାମବାସୀ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ସୋନପୁର କଳାକାରଙ୍କ ଦ୍ୱାରା ରାମଲିଲା ମଞ୍ଚସ୍ଥ ଶ୍ରଦ୍ଧାଳୁଙ୍କୁ ଆକୃଷ୍ଟ କରିଥିବା ବେଳେ ସଞ୍ଚାର, ଦଣ୍ଡନୃତ୍ୟ, କୀର୍ତ୍ତନ ଧାରା, ପାରାୟଣ କଥା, ପ୍ରବଚନ ଆୟୋଜନ କରାଯାଇଥିଲା। ଆଖପାଖ ଅଞ୍ଚଳର ଗ୍ରାମବାସୀଙ୍କ ସହଯୋଗରେ ପ୍ରତିଷ୍ଠା ଉତ୍ସବରେ ହଜାର ହଜାର ଭକ୍ତଙ୍କ ପାଇଁ ଅର୍ଣ୍ଣ ଭୋଗର ବ୍ୟବସ୍ଥା କରାଯାଇଥିଲା। ସୁବାସ ଦେହେରି, ରୋହିତ କୁମାର ଦେହେରି, ଗୋପୀନାଥ ଦେହେରି, ଅନୀଲ ବାରିକ, ସୁଦାମ ଖମାରୀ, ଜୟଲାଲ ଖମାରୀ, ପ୍ରମୋଦ ଦେହେରି, ନିର୍ମଳ ଖମାରୀ, ଦୁଃଖିନାସନ ପଧାନ, ଜିତେନ ପଧାନ ସୁବାସ ଦେହେରି, ବିଜୟ ସା, ମନୋହର ସା, ମଧୁ ଦେହେରି, କାର୍ତ୍ତିକ ପଧାନ ପ୍ରମୁଖ ସପତ୍ନୀକ କର୍ତ୍ତା କାର୍ଯ୍ୟ ତୁଲାଇଥିବା ବେଳେ ବଲ୍ଲଭ ପଣ୍ଡା, ଗଜେନ୍ଦ୍ର ପଣ୍ଡା, ବିନୋଦ ମହାରାଜ, ମହେନ୍ଦ୍ର ମହାରାଜ, ପ୍ରତୀକ ହୋତା ପ୍ରମୁଖ ପୂଜା କାର୍ଯ୍ୟ ସମ୍ପାଦନ କରିଥିଲେ। ଆଖପାଖ ଅଞ୍ଚଳର ହଜାର ହଜାର ଭକ୍ତଙ୍କ ସମାଗମ ପ୍ରତିଷ୍ଠା ଉତ୍ସବରେ ଦୃଷ୍ଟିଗୋଚର ହୋଇଥିଲା।

# ଜିଲାପାଳଙ୍କ ଦ୍ୱାରସ୍ଥ ହେଲେ ଔତଳ ଗ୍ରାମବାସୀ

- ପ୍ରଶାସନ, ଜିଲା ଶିକ୍ଷା ବିଭାଗ କର୍ତ୍ତୃପକ୍ଷଙ୍କ ଚରମ ଅବହେଳା
- ସ୍ୱତନ୍ତ୍ର ଜନଜାତି ପାଉଡି ଭୁୟାଁ ପିଲାଙ୍କ ପୋଥିରେ ଲାଗିବ ଡୋରି

ଦେବଗଡ଼,୧୦।୪(ଶଶାଙ୍କ ଶେଖର ଝାଙ୍କର)


ଦାବିପତ୍ର ଦେବାକୁ ଔତଳ ଗ୍ରାମବାସୀ ଜିଲାପାଳଙ୍କ କାର୍ଯ୍ୟାଳୟକୁ ଆସିଛନ୍ତି।

ଜିଲା ପ୍ରଶସନ ଓ ଜିଲା ଶିକ୍ଷା ବିଭାଗ କର୍ତ୍ତୃପକ୍ଷଙ୍କ ଚରମ ଅବହେଳା ଓ ଅଦୂରଦର୍ଶିତା ଯୋଗୁ ଦେବଗଡ଼ ଜିଲା ବାରକୋଟ ବ୍ଲକ ପାହାଡ ଉପରେ ଥିବା ଔତଳ ଗ୍ରାମର ସ୍ୱତନ୍ତ୍ର ଜନଜାତି ପାଉଡି ଭୁୟାଁ ଛାତ୍ରୀଛାତ୍ରଙ୍କ ପୋଥିରେ ଡୋରି ଲାଗିବାକୁ ଯାଉଛି। ଫଳରେ ଏହାର ପ୍ରତିକାର ନିମନ୍ତେ ଔତଳ ଗ୍ରାମବାସୀ ଗୁରୁବାର ଦେବଗଡ଼ ଜିଲାପଳଙ୍କ ଦ୍ୱାରସ୍ଥ ହୋଇଛନ୍ତି। ବାରକୋଟ ବ୍ଲକ ସରୁଆଳି ଗ୍ରାମପଞ୍ଚାୟତ ପାହାଡ ଉପରେ ଥିବା ଅନୁନ୍ନତ ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ ଉକ୍ତ ଗ୍ରାମର ସମସ୍ତ ପରିବାର ସ୍ୱତନ୍ତ୍ର ପାଉଡିଭୁୟାଁ ଜନଜାତିର ହୋଇଥିବା ବେଳେ ପିଲାଙ୍କ ପଢାପଢା ପାଇଁ ସେଠାରେ ସରକାରୀ ବିଦ୍ୟାଳୟ ରହିଛି। ଉକ୍ତ ବିଦ୍ୟାଳୟରେ ପୂର୍ବରୁ ସପ୍ତମ ଶ୍ରେଣୀର ପିଲାଙ୍କ ପାଇଁ ପାଠ ପଢିବାର ସୁବିଧା ରହିଥିବା ବେଳେ କିଛିବର୍ଷ ପୂର୍ବେ ଉକ୍ତ ବିଦ୍ୟାଳୟକୁ ଉନ୍ନିତ କରାଯିବା ସହ ସେଠାରେ ଅଷ୍ଟମ, ନବମ ଓ ଦଶମ ଶ୍ରେଣୀ ମଧ୍ୟ ଖୋଲାଯାଇଥିଲା। ସେହିପରି ଚଳିତବର୍ଷ ବିଦ୍ୟାଳୟ ପିଲାମାନେ ଠିଆନାଳ ହାଇସ୍କୁଲରେ ଆୟୋଜିତ ମାଟ୍ରିକ ପରୀକ୍ଷାରେ ଅଂଶଗ୍ରହଣ କରିଛନ୍ତି। ମାତ୍ର ବିଡମ୍ବନାର ବିଷୟ ଏହା ଯେ, ବିଦ୍ୟାଳୟ ମାତ୍ର କେତେଜଣ ଗଣଶିକ୍ଷକଙ୍କ ଦ୍ୱାରା ପରିଚାଳିତ ହେଉଛି। ବିଷୟ ଭିତ୍ତିକ ତାଲିମ ପ୍ରାପ୍ତ ଶିକ୍ଷକ ନିଯୁକ୍ତି ପାଇଁ ଗ୍ରାମବାସୀ ଇତିମଧ୍ୟରେ ବ୍ଲକ ଶିକ୍ଷା ଅଧିକାରୀ, ଜିଲା ଶିକ୍ଷା ଅଧିକାରୀ ଓ ଏପରିକି ଜିଲାପାଳଙ୍କ ନିକଟରେ ଏକାଧିକ ବାର ଗୁହାରୀ କରିଥିଲେ ମଧ୍ୟ କୌଣସି ପଦକ୍ଷେପ ଗ୍ରହଣ କରିବା ପରିବର୍ତ୍ତେ ନିରୀହ ପାଉଡିଭୁୟାଁଙ୍କ ଗୁହାରୀକୁ ହେୟ ମନେ କରୁଛନ୍ତି। ପରିଣାମ ସ୍ୱରୂପ ପିଲାଙ୍କୁ ଅଷ୍ଟମ ଓ ନବମ ଶ୍ରେଣୀର ପିଲାମାନେ ନବମ ଓ ଦଶମ ଶ୍ରେଣୀକୁ ଉନ୍ନତି ହେବା ପରିବର୍ତ୍ତେ ଶିକ୍ଷକମାନେ ସେମାନଙ୍କୁ 'ଆଉ ଉଚ୍ଚ ଇଂରାଜୀ ବିଦ୍ୟାଳୟ ଖୋଲିବ ନାହିଁ' ବୋଲି କହିବା ସହ କୁଆଡେ ସପ୍ତମ ଶ୍ରେଣୀର ସାର୍ଟିଫିକେଟ ଦେଇ ଅନ୍ୟ ବିଦ୍ୟାଳୟରେ ପାଠପଢିବା ପାଇଁ ପରାମର୍ଶ ଦେଉଥିବା ଜିଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି। ଏଥିସହ ଶିକ୍ଷା ପ୍ରତି ପିଲାଏ ମୁହଁ ଫେରାଇବା ସହ ମୂର୍ଖ ହୋଇଯିବେ ପଛେ ଉପର ଶ୍ରେଣୀରେ ପାଠ ପଢୁଥିବା ପିଲାମାନେ ତଳ ଶ୍ରେଣୀରେ ପାଠ ପଢିବାକୁ ରାଜି ହେଉ ନ ଥିବାରୁ ଆଦିବାସୀ ପିଲାଙ୍କ ଜୀବନ ନଷ୍ଟ ହୋଇଯିବା ଏକପ୍ରକାର ଥୟ ବୋଲି ଅଭିଯୋଗ ପତ୍ରରେ ଦର୍ଶାଇ ଏହାର ସମାଧାନ କରିବାକୁ ଜିଲାପାଳଙ୍କ ନିକଟରେ ଦାବି କରିଛନ୍ତି।

## ପାନୀୟ ଜଳ ସମସ୍ୟା ସମାଧାନ ପାଇଁ ବିଡିଓଙ୍କୁ ସ୍ମାରକପତ୍ର


ବିଡିଓଙ୍କୁ ସ୍ମାରକପତ୍ର ପ୍ରଦାନ କରାଯାଉଛି।

ଦେବଗଡ଼,୧୦।୪(ଶଶାଙ୍କ ଶେଖର ଝାଙ୍କର)

ଦେବଗଡ଼ ଜିଲା ବାରକୋଟ ବ୍ଲକ ଡଁରା ଗ୍ରାମ ପଞ୍ଚାୟତ ଜୟପିଛୁଳା ହୁଳି ସାହିରେ ଉତ୍କଟ ପାନୀୟ ଜଳ ସମସ୍ୟା ଦେଖାଦେଇଛି। ଫଳରେ ଲୋକମାନେ ନା ନା ଅସୁବିଧା ଭୋଗ କରୁଛନ୍ତି। ଏହାର ସମାଧାନ ଦାବିରେ ଗୁରୁବାର ଦେବଗଡ଼ ଜିଲା କଂଗ୍ରେସ ପକ୍ଷରୁ ବାରକୋଟ ବିଡିଓଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଛି। ଉକ୍ତ ଗ୍ରାମରେ ପାନୀୟ ଜଳର ଘୋର ଅଭାବ ଦେଖାଦେଇଥିବା ଖବର ପାଇ ଗୁରୁବାର ଜିଲା କଂଗ୍ରେସ ସଭାପତି ସେମ ହେମ୍ବ୍ରମ ଦଳୀୟ କର୍ମୀଙ୍କ ସହିତ ସେଠାରେ ପହଞ୍ଚି ସ୍ଥିତି ପରଖିଥିଲେ। ଏହାପରେ ଅପରାହ୍ନରେ ବାରକୋଟ ବ୍ଲକ କାର୍ଯ୍ୟାଳୟକୁ ଯାଇ ଏହି ସମସ୍ୟାର ସମାଧାନ ଦାବିରେ ବିଡିଓ ଡାକ୍ତର ସିଦ୍ଧେଶ୍ୱର ନାୟକଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ। ନିକଟସ୍ଥ ଶିରପାଲି ଗ୍ରାମରେ ଅନୁରୂପ ପାନୀୟ ଜଳ ସମସ୍ୟା ରହିଥିବାରୁ ଏହି ସମସ୍ୟା ସମାଧାନ ନିମନ୍ତେ ମଧ୍ୟ ଉପରୋକ୍ତ ସ୍ମାରକପତ୍ର ଜରିଆରେ ଦାବି କରାଯାଇଥିବା ଜଣାପଡିଛି। ସ୍ମାରକପତ୍ର ପ୍ରଦାନ ସମୟରେ ବାରକୋଟ ବ୍ଲକର ପୂର୍ବତନ ବ୍ଲକ ସଭାପତି ଯଶୋବନ୍ତ ସାହୁ, ବରିଷ୍ଠ କଂଗ୍ରେସ ନେତା ରମେଶ ଚନ୍ଦ୍ର ପାତ୍ର, ଶ୍ରୀତମ କୁମାର ସାହୁ,ଅଲେଖ ନାଏକ, ଆକାଶ ଦାଶ, ବିନୟ କୁମାର ଦେବତା, ବୁଲୁ ଧଳ, ସନ୍ତୋଷ ଉଦାବର, ସାଗର ପ୍ରଧାନ, ଜିତେନ୍ଦ୍ରୀୟ ବେହେରା ଓ ସୁଶୀଳ ଗୁଡିଆ ପ୍ରମୁଖ ଉପସ୍ଥିତ ଥିଲେ।

# ଜିଲାପାଳଙ୍କୁ ଗ୍ରାମବାସୀଙ୍କ ଦାବିପତ୍ର

ଦେବଗଡ଼,୧୦।୪(ଶଶାଙ୍କ ଶେଖର ଝାଙ୍କର)


ସ୍ୱୟଂ ସହାୟିକା ଗୋଷ୍ଠୀ ମହିଳାମାନେ ଦାବିପତ୍ର ଦେବାକୁ ଜିଲାପାଳଙ୍କ କାର୍ଯ୍ୟାଳୟକୁ ଆସିଛନ୍ତି।

ଦେବଗଡ଼ ଜିଲା ବାରକୋଟ ଥାନା ଟାଇଁସିରା ଗ୍ରାମରେ ଦିନକୁ ଦିନ ବେଆଇନ ଦେଶୀ ମଦ ବ୍ୟବସାୟ ବୃଦ୍ଧି ପାଇବାରେ ଲାଗିଛି। ପୋଲିସ ଏବଂ ଅବକାରୀ ବିଭାଗର ଅବହେଳା ଓ ପରୋକ୍ଷ ସମର୍ଥନ ଯୋଗୁ ଟାଇଁସିରା ଗ୍ରାମରେ ଖୋଲାଖୋଲି ବେଆଇନ ଦେଶୀ ମଦ ରନ୍ଧିବା ସହ ସର୍ବସାଧାରଣ ସ୍ଥାନରେ ବିକ୍ରି କରାଯାଉଛି। ପୋଲିସ ଏବଂ ଅବକାରୀ ବିଭାଗ ନିକଟରେ ବାରମ୍ବାର ଅଭିଯୋଗ କରିବା ସତ୍ତ୍ୱେ ଏଭଳି ବେଆଇନ ମଦ ବ୍ୟବସାୟୀଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ନ ଥିବାରୁ ଦିନକୁ ଦିନ ବେଆଇନ ଦେଶୀ ମଦ କାରବାର ସଂପ୍ରତି ଅନିୟନ୍ତ୍ରିତ ହୋଇପଡିଛି। ଫଳରେ ଉକ୍ତ ଗ୍ରାମରେ ଶାନ୍ତ ବ୍ୟାହତ ହେବା ସହ ପ୍ରତ୍ୟେକ ଦିନ ଗଣ୍ଡଗୋଳ ଘଟୁଥିବା ଦେଖିବବାକୁ ମିଳୁଛି। ଫଳରେ ବାଧହୋଇ ଉକ୍ତ ଗ୍ରାମର

### ଦେଶୀ ମଦ କାରବାର ବନ୍ଦ ଦାବି

ବହୁ ଜନସାଧାରଣ ଓ ସ୍ୱୟଂ ସହାୟିକା ଗୋଷ୍ଠୀ ମହିଳାମାନେ ଗୁରୁବାର ଦେବଗଡ଼ ଜିଲାପାଳଙ୍କ କାର୍ଯ୍ୟାଳୟକୁ ଆସି ଗାଁରେ ଚାଲିଥିବା ବେଆଇନ ଦେଶୀ ମଦ ପ୍ରସ୍ତୁତି ଏବଂ ବିକ୍ରି ବନ୍ଦ କରିବାକୁ ଜିଲାପାଳଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି। ଟାଇଁସିରା ଗ୍ରାମର ବିଭିନ୍ନ ସ୍ଥାନରେ ଅତି ସହଜରେ ଦେଶୀମଦ ମିଳିଯାଉଥିବାରୁ ଗାଁର ଶିଶୁଠାରୁ ବୃଦ୍ଧ ପର୍ଯ୍ୟନ୍ତ ପ୍ରାୟ ସମସ୍ତେ ମଦ୍ୟପାନ କରି ପରିବାର ତଥା ଗ୍ରାମବାସୀଙ୍କ ସହିତ ଗଣ୍ଡଗୋଳ କରୁଛନ୍ତି। ଏଥିସହ ନିଶାସକ୍ତ ଅବସ୍ଥାରେ ଏଣେ ତେଣେ ପଡି ରହୁଥିବା ଦେଖାଯାଉଛି। ଘର ଧାନ, ଚାଉଳ ଆଦି ଆବଶ୍ୟକ ସାମଗ୍ରୀ ବିକ୍ରି କରିବା ସହିତ ଆସବାବପତ୍ର ବନ୍ଧକ ରଖି ନିଶା ସେବନ କରୁଛନ୍ତି। ଜିଲା ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେଇ ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସହ ଗାଁରେ ବେଆଇନ ଦେଶୀ ମଦ ପ୍ରସ୍ତୁତି ଏବଂ ବିକ୍ରି ବନ୍ଦ କରିବାକୁ ଜିଲାପାଳଙ୍କୁ ଦାବିପତ୍ର ପ୍ରଦାନ କରଛନ୍ତି।

## ଯାଆଁଳା ମଧ୍ୟରୁ ଜଣଙ୍କୁ ମିଳିଲା, ଅନ୍ୟ ଜଣଙ୍କୁ ମିଳିଲାନି ଜାତି ପ୍ରମାଣପତ୍ର

ଲଖନପୁର,୧୦।୪(ଗୌତମ ସାହୁ)

ଝାରସୁଗୁଡ଼ା ଜିଲା ଲଖନପୁର ତହସିଲ ଅନ୍ତର୍ଗତ ଝାରୁପଡ଼ା ଗାଁର ସୀତାରାମ ମେହେର ନିଜ ଯାଆଁଳା ଝିଅପୁଅଙ୍କ ପ୍ରଥମ ଶ୍ରେଣୀରେ ନାମ ଲେଖାଇବାକୁ ଲଖନପୁର ତହସିଲରେ ଜାତି ପ୍ରମାଣ ପତ୍ର ପାଇଁ ଆବେଦନ କରିଥିଲେ। ଝିଅ ଅଞ୍ଜନାଙ୍କୁ ଜାତି ପ୍ରମାଣ ପତ୍ର ମିଳିଥିଲେ ହେଁ ପୁଅ କ୍ରିଷ୍ଣା ପାଇଁ ୪ ଥର ଆବେଦନ ଖାରଜ ହୋଇଥିବା ଅଭିଯୋଗ ହୋଇଛି। ସୀତାରାମଙ୍କ ଅଭିଯୋଗ ଅନୁସାରେ ନିଜ ଦୁଇ ଯାଆଁଳା ମଧ୍ୟରୁ ଝିଅଙ୍କ ପ୍ରମାଣ ପତ୍ର ମିଳିଥିବା ବେଳେ ପୁଅ କ୍ରିଷ୍ଣାଙ୍କୁ ୪ଥର ଦରଖାସ୍ତ ପରେ ଜମି ପଟ୍ଟା ଆବଶ୍ୟକ ଦର୍ଶାଇ ଆବେଦନ ଖାରଜ କରାଯାଇଛି। ସ୍ଥାନୀୟ ସରପଞ୍ଚଙ୍କ ବାସିନ୍ଦା ପ୍ରମାଣ ପତ୍ର ଦାଖଲ ପାଇଁ କୁହାଯାଇଥିବା ବେଳେ ଉକ୍ତ ପ୍ରମାଣ ପତ୍ର ମଧ୍ୟ ଦାଖଲ ସତ୍ତ୍ୱେ ପୁଅ ଜାତି ପ୍ରମାଣ ପତ୍ର ପାଇବାରୁ ବଞ୍ଚିତ ରହୁଥିବାରୁ ଶିକ୍ଷା ଗ୍ରହଣ ଦିଗରେ ଅସୁବିଧା ହେଉଥିବା ପ୍ରକାଶ କରିଛନ୍ତି। ସୀତାରାମଙ୍କ ପରିବାର ହୀରାକୁଦ ନଦୀବନ୍ଧ ଯୋଜନାରେ ପଦ୍ମପୁରରୁ ସମ୍ପୂର୍ଣ୍ଣ ଭାବେ ସର୍ବାହରା ହୋଇ ଝାରୁପଡ଼ାରେ ବାସ କରନ୍ତି। ହୀରାକୁଦ ବିସ୍ଥାପିତ ଭାବେ ସରକାରଙ୍କ ପକ୍ଷରୁ ପ୍ରଦାନ କରାଯାଉଥିବା ୧୦ ଡିସମିଲ ଜମି ନ ପାଇ ସୀତାରାମଙ୍କ ଭଳି ଅନେକ ପରିବାର ପ୍ରମାଣ ପତ୍ର ପାଇଁ ନାହିଁ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏହି ସମସ୍ୟା ସ୍ଥାୟୀ ସମାଧାନ କରିବାକୁ ଦାବି ହେଉଛି। ଏ ନେଇ ତହସିଲଦାର ପ୍ରସନ୍ନ କୁମାର ପଟେଲଙ୍କ ମୋବାଇଲକୁ ଯୋଗାଯୋଗ କରାଯାଇଥିଲେ ହେଁ ସେ ଫୋନ ରିସିଭ୍ ନ କରିବାରୁ ମତାମତ ମିଳିପାରି ନାହିଁ।

## ନେତାଜୀ କ୍ଲବ ସୁଗୁଡ଼ା ୨-୦ ଗୋଲରେ ବିଜୟୀ

ଦେବଗଡ଼,୧୦।୪(ଶଶାଙ୍କ ଶେଖର ଝାଙ୍କର)

### ୧୫ ବର୍ଷରୁ କମ୍ ମୁଖ୍ୟମନ୍ତ୍ରୀ ଟ୍ରଫିର ଚତୁର୍ଥ ଦିବସ

ଜିଲା ପ୍ରଶାସନ ଓ ଜିଲା କ୍ରୀଡା ସଂଘ ପକ୍ଷରୁ ସ୍ଥାନୀୟ ଇନ୍ଦିରା ଗାନ୍ଧୀ ଷ୍ଟାଡିୟମଠାରେ ଚାଲିଥିବା ଜିଲାସ୍ତରୀୟ ୧୫ ବର୍ଷରୁ କମ ମୁଖ୍ୟମନ୍ତ୍ରୀ ଟ୍ରଫିର ଗୁରୁବାର ଚତୁର୍ଥ ଦିବସର ମ୍ୟାଚ୍ ନେତାଜୀ କ୍ଲବ ସୁଗୁଡା ବନାମ ଜୟ ବଜରଙ୍ଗବାଲି କ୍ଲବ ତେରେଣ୍ଡାକେଟା ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ନେତାଜୀ କ୍ଲବ ସୁଗୁଡ଼ା ୨-୦ ଗୋଲରେ ବଜରଙ୍ଗବାଲି କ୍ଲବ ତେରେଣ୍ଡାକେଟାକୁ ପରାସ୍ତ କରି ବିଜୟୀ ହୋଇଛି। ମ୍ୟାଚ୍ ରେଫରି ଭାବେ ଭୂପେନ ନାୟକ, ଆଲୋକ କୁମାର ବେହେରା, ମୁକୁନ୍ଦ ବେହେରା, ସୌରଭ କୁମାର ନାୟକ ପରିଚାଳନା କରିଥିବା ବେଳେ ପ୍ରଦୀପ କୁମାର ବେହେରା ମ୍ୟାଚ କମିଶନର ଦାୟିତ୍ୱ ତୁଲାଇଥିଲେ। ଜିଲା ମଙ୍ଗଳ ଅଧିକାରୀ ଶିଶିର କୁମାର ପୁହାଣ, ପୂର୍ବତନ ଖେଳାଳି ପ୍ରଦୀପ କୁମାର ମିଶ୍ର, ସୁଶୀଲ କୁମାର କର, ଶାରୀରିକ ଶିକ୍ଷା ନିରୀକ୍ଷକା ପଦ୍ମିନୀ ମହାପାତ୍ର, ଜିଲା କ୍ରୀଡା ଅଧିକାରୀ ତାପସ କୁମାର ମହନ୍ତ ଅତିଥି ଭାବେ ଯୋଗଦେଇଥିଲେ। ଶୁକ୍ରବାର ମ୍ୟାଚ ମହାଲକ୍ଷ୍ମୀ କ୍ଲବ କୁରଡ଼ ବନାମ ଜୟ ମାଁ ଦୁର୍ଗା ସ୍ପୋର୍ଟ୍ସ ଆସୋସିଏଶନ ମଧ୍ୟରେ ଅନୁଷ୍ଠିତ ହେବ।

## ହକି ଷ୍ଟାଡିୟମ୍ ପରିଦର୍ଶନ କଲେ ଜିଲାପାଳ


ଜିଲାପାଳ ପରିଦର୍ଶନ କରି ଅଧିକାରୀଙ୍କ ସହ ଆଲୋଚନା କରୁଛନ୍ତି।

ଝାରସୁଗୁଡ଼ା,୧୦।୪(ଆଶିଷ ରଞ୍ଜନ ଦାଶ)

ଝାରସୁଗୁଡ଼ା ଜିଲାପାଳ ତଥା ଜିଲା ହକି ସଂଘ ସଭାପତି ଅବୋଲି ସୁନୀଲ ନରୱନେ ସ୍ଥାନୀୟ ଏଚ.କଟାପାଲିଠାରେ ଥିବା ଜିଲା ହକି ପଡିଆ ପରିଦର୍ଶନ କରିଥିଲେ। ଆସନ୍ତା ଏପ୍ରିଲ ୧୮ ରୁ ୨୦ ତାରିଖ ପର୍ଯ୍ୟନ୍ତ ହେବାକୁ ଥିବା ଆନ୍ତଃ ରାଜ୍ୟ ୫ ଏ ସାଇଡ ବାଳିକା ହକି ପ୍ରତିଯୋଗିତାରେ ଅଂଶଗ୍ରହଣ କରୁଥିବା ଓଡିଶା ଓ ବାହାର ରାଜ୍ୟରୁ ଆସୁଥିବା ବାଳିକା ଖେଳାଳିମାନଙ୍କ ରହିବା ବ୍ୟବସ୍ଥା, ପଡିଆର ପ୍ରସ୍ତୁତି ଓ ଅତିଥିମାନଙ୍କ ଉପରେ ରାଜ୍ୟ ହକି ସଂଘର ଉପସଭାପତି ଜୀବନ ମହାନ୍ତିଙ୍କ ସହ ବିସ୍ତୃତ ଆଲୋଚନା କରିଥିଲେ। ସୂଚନାଯୋଗ୍ୟ ଯେ, ଓଡ଼ିଶାରେ ହକି ଓଡ଼ିଶା ଗଠନ ପରେ ପ୍ରଥମଥର ଝାରସୁଗୁଡ଼ାରେ ୫ ଏ ସାଇଡ ସବ ଜୁନିୟର ବାଳିକା ପ୍ରତିଯୋଗିତା ହେବାକୁ ଯାଉଛି। ଏହି ପ୍ରତିଯୋଗିତାରେ ଓଡ଼ିଶା ସମେତ ବିହାର, ଛତିଶଗଡ, ଝାରଖଣ୍ଡ ଓ ମଧ୍ୟପ୍ରଦେଶ ୯ଟି ଦଳ ଅଂଶଗ୍ରହଣ କରୁଛନ୍ତି। ଏହାକୁ ସଫଳ କରିବା ପାଇଁ ଜିଲାପାଳ ନିଜେ ସମୀକ୍ଷା କରୁଛନ୍ତି। ଏହି ଆଲୋଚନା ସମୟରେ ଝାରସୁଗୁଡା ଜିଲା ହକି ସଂଘର ଗଣେଶ ନାୟକ, କ୍ଲେମେଣ୍ଟ ରୋନଲଡ୍, ଅଶ୍ୱିନୀ ପାଣ୍ଡେ, ସୁଶାନ୍ତ ବେହେରା, ଜିଲାରେ କୋଚ ଭାବେ ରହିଥିବା ସୁଜିତ ଲାକ୍ରା, ପ୍ରଫୁଲ୍ଲ କୁଲୁ ଓ ସୁଜିତ ଲାକ୍ରା ଉପସ୍ଥିତ ଥିଲେ।

## ଓଡ଼ିଆ ପକ୍ଷ ପାଳନ ଅବସରରେ ୨୭ ବରିଷ୍ଠ କଳାକାର ସମ୍ବର୍ଦ୍ଧିତ

ଦେବଗଡ଼,୧୦।୪(ଶଶାଙ୍କ ଶେଖର ଝାଙ୍କର)


କାର୍ଯ୍ୟକ୍ରମରେ ଜଣେ କଳାକାରଙ୍କୁ ସମ୍ବର୍ଦ୍ଧିତ କରାଯାଉଛି।

ଓଡ଼ିଆ ପକ୍ଷ ପାଳନ ଅବସରରେ ଦେବଗଡ଼ ଜିଲା ଲୋକକଳା ଗ୍ରାମ ତିଲେଇବଣି ବ୍ଲକ ଦୁଧିଆନାଳି ଗ୍ରାମପଞ୍ଚାୟତ ଭେରୁବଣୀ ଗ୍ରାମରେ ଲୋକକଳା ପାଇଁ ଦିନ ଟିଏ, ବରିଷ୍ଠ କଳାକାରଙ୍କୁ ସମ୍ବର୍ଦ୍ଧନା ଓ ଲୋକକଳା ଗ୍ରାମ ପରିଦର୍ଶନ କାର୍ଯ୍ୟକ୍ରମ ଗୁରୁବାର ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଜିଲାପାଳ କବୀନ୍ଦ୍ର କୁମାର ସାହୁ, ବରେଣ୍ୟ ଅତିରିକ୍ତ ଜିଲାପାଳ ରେବେକା ବିଲୁଙ୍ଗ, ଉପ ଜିଲାପାଳ ପରକ୍ଷିତ ସାହୁ, ଜିଲା ନିଯୋଜନ ଅଧିକାରୀ ବିଜୟ କୁମାର ଉପାଧ୍ୟାୟ, ଜିଲା ମଙ୍ଗଳ ଅଧିକାରୀ ଶିଶିର କୁମାର ପୁହାଣ, ସହକାରୀ ନିର୍ଦ୍ଦେଶକ ଉଦ୍ୟାନ ବିଭାଗ ଅନ୍ତର୍ଯାମୀ ସାହୁ, ଗୋଷ୍ଠୀ ଉନ୍ନୟନ ଅଧିକାରୀ ପ୍ରିୟଦର୍ଶିନୀ ମିର୍ଦ୍ଧା, ଅତିରିକ୍ତ ଜିଲା ଜନସ୍ୱାସ୍ଥ୍ୟ ଅଧିକାରୀ ଡ଼ ବଂଶୀଧର ପାତ୍ର, ସ୍ଥାନୀୟ ସରପଞ୍ଚ ଉଦିତ କୁମାର ନାଏକ ପ୍ରମୁଖ ଯୋଗଦେଇ ୨୭ଜଣ ବରିଷ୍ଠ କଳାକାରମାନଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ମୁଖ୍ୟଅତିଥି ସାହୁ କଳାକାରମାନଙ୍କୁ ଲୋକକଳାକୁ କିପରି ବଞ୍ଚାଇ ରଖିବା ଉପରେ ଆଲୋକପାତ କରିଥିଲେ। କାର୍ଯ୍ୟକ୍ରମରେ ବହୁତ ସଂଖ୍ୟାରେ କଳାକାର ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମ ଜିଲା ସୂଚନା ଓ ଲୋକ ସମ୍ପର୍କ ତଥା ଜିଲା ସଂସ୍କୃତି ଅଧିକାରୀ ମନୋରଞ୍ଜନ ସୂତାର ସଂଯୋଜନା କରିଥିଲେ।

## ଲୋକକଳା ପାଇଁ ଦିନଟିଏ କାର୍ଯ୍ୟକ୍ରମ

ଝାରସୁଗୁଡ଼ା,୧୦।୪(ଆଶିଷ ରଞ୍ଜନ ଦାଶ)

ଓଡ଼ିଆ ପକ୍ଷ ପାଳନ ଦଶମ ଦିବସରେ ଲୋକକଳା ପାଇଁ ଦିନଟିଏ କାର୍ଯ୍ୟକ୍ରମ ଝାରସୁଗୁଡା ଜିଲା ଲୋକକଳା ଗ୍ରାମ ଲଖନପୁର ବ୍ଲକ ପଞ୍ଚଗାଁଠାରେ ଗୁରୁବାର ଅନୁଷ୍ଠିତ ହୋଇଛି। କାର୍ଯ୍ୟକ୍ରମରେ ଜିଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ବିଶ୍ୱରଞ୍ଜନ ନାଏକ, ଅତିରିକ୍ତ ଜିଲାପାଳ ବ୍ରଜବନ୍ଧୁ ଭୋଇ, ପଞ୍ଚାୟତ ସମିତି ଅଧକ୍ଷା ହୁତେଶ୍ୱରୀ ତିହିରିଆ, ଜିଲା ପରିଷଦ ସଭ୍ୟ ସନତ ସିଂ, ଗୋଷ୍ଠୀ ଉନ୍ନୟନ ଅଧିକାରୀ ବିନୟ ପଟେଲ, ଅତିରିକ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଗୋପାଳକୃଷ୍ଣ ମିଶ୍ର, ସରପଞ୍ଚ ମୁକେଶ ପଧାନ, ଜିଲା ଶିଶୁ ସୁରକ୍ଷା ଅଧିକାରୀ ସୁନନ୍ଦ ମହାରଣା ଓ ବୟନ ଶିଳ୍ପ ସହକାରୀ ନିର୍ଦ୍ଦେଶିକା ମୋନାଲିସା ପଟେଲ ପ୍ରମୁଖ ଉପସ୍ଥିତ ଥିଲେ। କଳାକାରମାନଙ୍କ ଦ୍ୱାରା ଭାଗବତ, ସଂକୀର୍ତ୍ତନ, ପାଲା, ସଂପ୍ରଦା ଓ ସଞ୍ଚାର ଆଦି ବିଭିନ୍ନ ଲୋକକଳା ପ୍ରଦର୍ଶିତ ହୋଇଥିଲା। ଅତିଥିମାନେ କଳାକାରମାନଙ୍କ ଉଚ୍ଚ ପ୍ରଶଂସା କରିଥିଲେ। ଏହି ଅବସରରେ ୨୦ଜଣ ବରିଷ୍ଠ କଳାକାରମାନଙ୍କୁ ସମ୍ବର୍ଦ୍ଧନା କରାଯାଇଥିଲା। ଜିଲା କଳା ସଂସ୍କୃତି ସଂଘ ଉପ ସଭାପତି ସୁରଙ୍ଗ ପଧାନ ସଭା ପରିଚାଳନା କରିଥିବା ବେଳେ ସମିତି ସଭ୍ୟ ରୋହିତ ଧୁରୁଆ ଧନ୍ୟବାଦ ଅର୍ପଣ କରିଥିଲେ।


କାର୍ଯ୍ୟକ୍ରମରେ ଅତିଥିଙ୍କ ଗହଣରେ ସମ୍ବର୍ଦ୍ଧିତ କଳାକାରମାନେ।

# ସୁରଟରେ ଦାଦନ ଶ୍ରମିକଙ୍କ ମୃତ୍ୟୁ

- କ୍ଷତିପୂରଣ, ସହାୟତା ଦାବି
- ଜିଲାପାଳ, ଜିଲା ଶ୍ରମ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା

ଝାରସୁଗୁଡ଼ା,୧୦।୪(ଆଶିଷ ରଞ୍ଜନ ଦାଶ)


ଜିଲା ଶ୍ରମ କାର୍ଯ୍ୟାଳୟ ସମ୍ମୁଖରେ ପରିବାର ଲୋକମାନେ ଧାରଣା ଦେଇଛନ୍ତି।

ଝାରସୁଗୁଡ଼ା ଜିଲା ସଦର ବ୍ଲକ ଅନ୍ତର୍ଗତ ହଁସାମୁରା କଣ୍ଟାପାଲି ମାଲିଡିହ ଗ୍ରାମର କରନ ନେଟି (୨୦) ନାମକ ଜଣେ ଯୁବକଙ୍କ ସୁରଟରେ ବିଦ୍ୟୁତ୍ ଆଘାତରେ ମୃତ୍ୟୁ ଘଟିଥିବା ଅଭିଯୋଗ ହୋଇଛି। ଗୁରୁବାର ସୁରଟରୁ ମୃତଦେହ ଝାରସୁଗୁଡ଼ାରେ ପହଞ୍ଚିବା ପରେ କରନଙ୍କ ପରିବାର ଓ ସାମାଜିକ କର୍ମୀ କ୍ଷତିପୂରଣ ଏବଂ ସହାୟତା ଦାବି କରି ପ୍ରଥମେ ଜିଲା ଶ୍ରମ କାର୍ଯ୍ୟାଳୟ ଓ ପରେ ଜିଲାପାଳ କାର୍ଯ୍ୟାଳୟଠାରେ ଧାରଣା ଦେଇଥିଲେ। ଝାରସୁଗୁଡାରେ ଏତେ ଶିଳ୍ପାନୁଷ୍ଠାନ ଥାଇ ମଧ୍ୟ ଜିଲାର ବେକାର ଯୁବକମାନେ ପେଟ ପୋଷିବା ପାଇଁ ବାହାର ରାଜ୍ୟକୁ ଯାଇ ନିଜର ଜୀବନ ହରାଇବା ଅତ୍ୟନ୍ତ ଦୁଃଖର ବିଷୟ। କରନ ନେଟିଙ୍କ ପରିବାର ଏକମାତ୍ର ରୋଜଗାରିଆ ଥିବାରୁ ତାଙ୍କ ମୃତ୍ୟୁରେ ପରିବାର ଲୋକଙ୍କୁ ସାହାଯ୍ୟ ପାଇଁ ଧାରଣାରେ ବସିଥିବା ସାମାଜିକ କର୍ମୀ ତଥା କରନ ନେଟିଙ୍କ ପରିବାର ଲୋକେ ଜିଲାପାଳଙ୍କୁ ଦାବି କରିଥିଲେ। କରନଙ୍କ ପରିବାର ପକ୍ଷରୁ ଜିଲାପାଳ, ଜିଲା ଶ୍ରମ ଅଧିକାରୀ ଏବଂ ସଦର ଥାନାରେ ଦାବିପତ୍ର ଦେଇଥିଲେ। ଜିଲପାଳଙ୍କ କାର୍ଯ୍ୟାଳୟ ପକ୍ଷରୁ ଅତିରିକ୍ତ ଜିଲାପାଳ କିଶୋର ସ୍ୱାଇଁ ରେଡ୍‌କ୍ରସରୁ ୧୦ ହଜାର ଟଙ୍କା ଦେବା ସହିତ କରନଙ୍କ ପରିବାର୍‌କୁ ସହାୟତା କରିବା ପାଇଁ ପ୍ରତିଶ୍ରୁତି ଦେଇଥିଲେ। ସୂଚନା ଯେ, ଝାରସୁଗୁଡା ଜିଲା ସଦର ବ୍ଲକ ଅନ୍ତର୍ଗତ ହଁସାମୁରା କଣ୍ଟାପାଲି ମାଲିଡିହ ଗ୍ରାମର କରନ ଗତ ୪ ମାସ ପୂର୍ବେ ଦାଦନ ଖଟିବାକୁ ସୁରଟ ଯାଇଥିଲେ। ଗତ ସୋମବାର କରନ କାମ କରୁଥିବା ବେଳେ ବିଦ୍ୟୁତ୍ ଆଘାତରେ ଗୁରୁତର ହୋଇ ଯାଇଥିଲେ। ତାଙ୍କ ସାଙ୍ଗମାନେ କରନଙ୍କୁ ସ୍ଥାନୀୟ ଡାକ୍ତରଖାନାକୁ ନେଇଥିଲେ। ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ। ସୁରଟର ଯେଉଁ କମ୍ପାନୀରେ କାମ କରୁଥିଲେ ସେ ୨ ଲକ୍ଷ ଟଙ୍କାର ପ୍ରତିଶ୍ରୁତି ଦେବା ସହ ଶୁଦ୍ଧିକ୍ରିୟା ପାଇଁ ୨୫ ହଜାର ଟଙ୍କା ଦେଇଥିବା ତାଙ୍କ ପାରିବାର ଲୋକେ କହିଛନ୍ତି। ଧାରଣା ଦେବା ସମୟରେ ସାମାଜିକ କର୍ମୀ ରମେଶ ତ୍ରିପାଠୀ, ମହେନ୍ଦ୍ର ନାଇକ, ରତ୍ନାକର ପ୍ରଧାନ, ପ୍ରଭାକର ଓରାମ ତଥା କରନ ନେଟିଙ୍କ ପରିବାର ଲୋକେ ସାମିଲ ଥିଲେ।

# ବିପଣନ ବ୍ୟବସ୍ଥା ସୁଦୃଢ଼ୀକରଣକୁ ଗୁରୁତ୍ୱ

**ସମବାୟ, ହସ୍ତତନ୍ତ୍ର, ବୟନ ଓ ହସ୍ତଶିଳ୍ପ ମନ୍ତ୍ରୀଙ୍କ ଦିନିକିଆ ବରଗଡ଼ ଗସ୍ତ**

ବରଗଡ,୧୦।୪(ପ୍ରେମାନନ୍ଦ ଖମାରୀ)



ବାଲିଜୁରି ବଜାରରେ ମନ୍ତ୍ରୀ ବୁଣାକାରମାନଙ୍କ ସହିତ ଆଲୋଚନା କରୁଛନ୍ତି।

ରାଜ୍ୟ ସରକାରଙ୍କ ସମବାୟ, ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ବିଭାଗୀୟ ମନ୍ତ୍ରୀ ପ୍ରଦୀପ ବଳସାମନ୍ତ ଗୁରୁବାର ଦିନିକିଆ ବରଗଡ ଗସ୍ତରେ ଆସି ବରଗଡ଼ ନିୟନ୍ତ୍ରିତ ବଜାର କମିଟିର ନୂତନ କାର୍ଯ୍ୟାଳୟ, ଅତାବିରା ଓ ଗୋଡଭଗାଠାରେ ନବନିର୍ମିତ ନିୟନ୍ତ୍ରିତ ବଜାର କମିଟିର ମାର୍କେଟ କମ୍ପ୍ଲେକ୍ସକୁ ଉଦ୍‌ଘାଟନ କରିଛନ୍ତି। ଏହାସହ ମୋଟ୍ ମୋଟ ୮୮ କୋଟି ୭୨ଲକ୍ଷ ୫୧ ହଜାର ଟଙ୍କାର ବିଭିନ୍ନ ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି। ମନ୍ତ୍ରୀ ବଳସାମନ୍ତ ପ୍ରଥମେ ବାଲିଜୁରି ବଜାର ପରିଭ୍ରମଣ କରି ସ୍ଥାନୀୟ ବୁଣାକାରଙ୍କ ନିମିତ୍ତ ପୂର୍ବରୁ ନିର୍ମାଣ ହୋଇ ଖାଲି ପଡିରହିଥିବା ମାର୍କେଟ କମ୍ପ୍ଲେକ୍ସର ତଦାରଖ କରିବା ପରେ ବେହେରା ମାର୍କେଟ ପରିଦର୍ଶନ କରି ସେଠାରେ ସମସ୍ତ ସୁବିଧା ଯୋଗାଇ ତାହାର ପୁନରୁଦ୍ଧାର ସକାଶେ ସ୍ଥାନୀୟ ବୁଣାକାର ଏବଂ ସାଧାରଣ ଲୋକଙ୍କ ସହ ଆଲୋଚନା କରିଥିଲେ। ଏହାପରେ ସେ ବରଗଡସ୍ଥିତ ସମ୍ବଲପୁରୀ ବସ୍ତ୍ରାଳୟର ରଙ୍ଗ ଘର ଏବଂ କାର୍ଯ୍ୟାଳୟ ପରିଦର୍ଶନ କରି ସମଲପୁରୀ କପଡ଼ା ପ୍ରସ୍ତୁତି ଏବଂ ବିକ୍ରି ପ୍ରକ୍ରିୟାର ତଦାରଖ କରିବା ପରେ କୃତାର୍ଥ ଆଚାର୍ଯ୍ୟ ସମବାୟ ପରିଚାଳନା କେନ୍ଦ୍ରରେ ଆୟୋଜିତ ଜିଲାସ୍ତରୀୟ ସମବାୟ ସଭ୍ୟ ସଚେତନତା କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଏହାର ଉଦ୍‌ଘାଟନ କରିଥିଲେ। ରାଜ୍ୟ ସରକାର ସମବାୟ ବିଭାଗ ମାଧ୍ୟମରେ ଯୋଗାଇ ଦେଉଥିବା ସମସ୍ତ ସୁବିଧା ବିଷୟରେ ସୂଚନା ପ୍ରଦାନ କରିବା ପରେ ସମବାୟ ଆନ୍ଦୋଳନ ଜରିଆରେ ବିକଶିତ ଗାଁ ବିକଶିତ ଓଡ଼ିଶା ତଥା ବିକଶିତ ଭାରତ ଗଠନ କରିବାକୁ ଆହ୍ୱାନ ଦେଇଥିଲେ। ଏହାପରେ ମନ୍ତ୍ରୀ ବଳସାମନ୍ତ ସ୍ଥାନୀୟ ଗୋରୁ ମାର୍କେଟଠାରେ ୬ କୋଟି ୮୫ ଲକ୍ଷ ୪୧ ହଜାର ୬୩୧ ଟଙ୍କା ମୂଲ୍ୟରେ ନିର୍ମିତ ବରଗଡ଼ ନିୟନ୍ତ୍ରିତ ବଜାର କମିଟିର ନୂତନ କାର୍ଯ୍ୟାଳୟର ଉଦ୍‌ଘାଟନ କରିଥିଲେ। ଏହାସହିତ ବରଗଡ଼ ବ୍ଲକ୍ ଅନ୍ତର୍ଗତ ବିଭିନ୍ନ ଧାନ କ୍ରୟକେନ୍ଦ୍ରରେ ଭିତ୍ତିଭୂମି ନିର୍ମାଣ ଓ ଉନ୍ନୟନମୂଳକ କାର୍ଯ୍ୟ ପାଇଁ ପାଖାପାଖି ୫ କୋଟି ୭୯ ଲକ୍ଷ ଟଙ୍କା, ଭଟଲି ଓ ଅମ୍ବାଭୋନା ବ୍ଲକ ଅନ୍ତର୍ଗତ ବିଭିନ୍ନ ଧାନ କ୍ରୟକେନ୍ଦ୍ରରେ ଭିତ୍ତିଭୂମି ନିର୍ମାଣ ଓ ଉନ୍ନୟନ ମୂଳକ କାର୍ଯ୍ୟ ପାଇଁ ପାଖାପାଖି ୫ କୋଟି ୮୩ ଲକ୍ଷ ଟଙ୍କା, ବରପାଲି ବ୍ଲକ ଅନ୍ତର୍ଗତ ବିଭିନ୍ନ ଧାନ କ୍ରୟ କେନ୍ଦ୍ରରେ ଭିତ୍ତିଭୂମି ନିର୍ମାଣ ଓ ଉନ୍ନୟନମୂଳକ କାର୍ଯ୍ୟ ପାଇଁ ପାଖାପାଖି ୪ କୋଟି ୮୦ ଲକ୍ଷ ଟଙ୍କା, ଅମ୍ବାଭୋନା ବ୍ଲକ ଅନ୍ତର୍ଗତ ଭୁଲ୍ଲା ଆଦର୍ଶ ମଣ୍ଡିର ଭିତ୍ତିଭୂମି ନିର୍ମାଣ ଓ ଲଖନପୁର ଧାନ କ୍ରୟକେନ୍ଦ୍ରର ଉନ୍ନୟନମୂଳକ କାର୍ଯ୍ୟ ପାଇଁ ପାଖାପାଖି ୪ କୋଟି ୮୩ ଲକ୍ଷ ଟଙ୍କା ଏବଂ ବରଗଡ଼ ନିୟନ୍ତ୍ରିତ ବଜାର କମିଟିରେ ମିଲନ ଶକ୍ତି କାଫେ, ମାଂସ ବଜାର, ପରିବା ବଜାର, ଭେଣ୍ଡି ଜୋନ୍ ନିର୍ମାଣ, ସର୍ବସାଧାରଣ ଶୌଚାଳୟ, ଚଲାପଥ ନିର୍ମାଣ ଓ କୃଷକ ବଜାର ନବୀକରଣ କାର୍ଯ୍ୟ ପାଇଁ ୮କୋଟି ୧୦ଲକ୍ଷ ୪୬ ହଜାର ଟଙ୍କାର ପ୍ରସ୍ତାବିତ ଉନ୍ନୟନମୂଳକ କାର୍ଯ୍ୟ ପାଇଁ ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି। ଉଦ୍‌ଘାଟନୀ ସଭାରେ ମନ୍ତ୍ରୀ ବଳସାମନ୍ତ ଯୋଗ ଦେଇ କହିଥିଲେ, ବିପଣନ ବ୍ୟବସ୍ଥା ସୁଦୃଢ଼ ହେଲେ କୃଷକମାନଙ୍କ ଜୀବନ ଜୀବିକା ସୁରକ୍ଷିତ ହୋଇପାରିବ ଏବଂ ସେମାନଙ୍କ ଆର୍ଥିକ ପ୍ରଗତି ଆସିପାରିବ। ତେଣୁ ଓଡ଼ିଶା ସରକାର କୃଷି ଅର୍ଥନୀତିକୁ ସୁଦୃଢ଼ କରିବା ସହ ବରଗଡ଼ ଜିଲ୍ଲାର ପୁରପଲ୍ଲୀରେ କୃଷକମାନଙ୍କ ଶ୍ରମର ଉପଯୁକ୍ତ ମୂଲ୍ୟ ଯୋଗାଇବା ପାଇଁ ବିଭିନ୍ନ ପଦକ୍ଷେପ ତଥା ଯୋଜନା କରୁଥିବା ମନ୍ତ୍ରୀ କହିଥିଲେ। ଏହାପରେ ସେ ଭାରତୀୟ ହସ୍ତତନ୍ତ ପ୍ରଯୁକ୍ତି ପ୍ରତିଷ୍ଠାନ ଗସ୍ତ କରି ସେଠାକାର ସମସ୍ୟା ବିଷୟରେ ପଚାରି ବୁଝିବା ସହ ଭିତ୍ତିଭୂମି ବିକାଶ ପାଇଁ ଆଲୋଚନା କରିଥିଲେ। ଏହାସହିତ ଅତାବିରା ଅଞ୍ଚଳର କୃଷକମାନଙ୍କ ଉତ୍ପାଦିତ ଦ୍ରବ୍ୟର ଉଚିତ ମୂଲ୍ୟ ଯୋଗାଇ ଦେବା ପାଇଁ ଓ ବିପଣନ ବ୍ୟବସ୍ଥାକୁ ସୁଦୃଢ଼ କରିବା ଲକ୍ଷ୍ୟରେ ମୋଟ ୨ କୋଟି ୪୦ ଲକ୍ଷ ଟଙ୍କା ମୂଲ୍ୟରେ ନିର୍ମିତ ଅତାବିରା ନିୟନ୍ତ୍ରିତ ବଜାର କମିଟିର ୭୮ଟି ଦୋକାନ ଗୃହ ବିଶିଷ୍ଟ ମାର୍କେଟ କମ୍ପ୍ଲେକ୍ସ ଏବଂ ଗୋଡ଼ଭଗାଠାରେ ୨କୋଟି ମୂଲ୍ୟରେ ନିର୍ମିତ ୪୦ଟି ଦୋକାନ ଘର ବିଶିଷ୍ଟ ମାର୍କେଟ କମ୍ପ୍ଲେକ୍ସକୁ ଉଦ୍‌ଘାଟନ କରିଥିଲେ। ମନ୍ତ୍ରୀ ବଳସାମନ୍ତଙ୍କ ଗସ୍ତ ସମୟରେ ବରଗଡ଼ ଏମ୍‌ପି ପ୍ରଦୀପ ପୁରୋହିତଙ୍କ ସମେତ ବରଗଡ଼ ବିଧାୟକ ଅଶ୍ୱିନୀ କୁମାର ଷଡ଼ଙ୍ଗୀ, ଭଟଲି ବିଧାୟକ ଇରାସିସ୍ ଆଚାର୍ଯ୍ୟ, ବିଜେପୁର ସନତ କୁମାର ଗଡ଼ତିଆ, ଜିଲାପାଳ ଆଦିତ୍ୟ ଗୋୟଲ, ଅତିରିକ୍ତ ଜିଲାପାଳ ତଥା ବରଗଡ଼ ନିୟନ୍ତ୍ରିତ ବଜାର କମିଟି ଅଧକ୍ଷା ମଧୁଛନ୍ଦା ସାହୁ, ବରଗଡ ଉପ ଜିଲାପାଳ ତଥା ଅତାବିରା ନିୟନ୍ତ୍ରିତ ବଜାର କମିଟି ଅଧକ୍ଷ ପ୍ରସନ୍ନ କୁମାର ପାଣ୍ଡେଙ୍କ ସମେତ ବରଗଡ଼ ଓ ନିୟନ୍ତ୍ରିତ ବଜାର କମିଟିର ସମ୍ପାଦକ, କର୍ମକର୍ତ୍ତା, ବିଭିନ୍ନ ଜିଲାସ୍ତରୀୟ ଅଧିକାରୀ ଉପସ୍ଥିତ ଥିଲେ।

## ବାପୁଜୀ ସ୍ୱତନ୍ତ୍ର ବିଦ୍ୟାଳୟରେ ବିଭିନ୍ନ କାର୍ଯ୍ୟକ୍ରମ



ବାପୁଜୀ ସ୍ୱତନ୍ତ୍ର ବିଦ୍ୟାଳୟ କାର୍ଯ୍ୟକ୍ରମରେ ଉପସ୍ଥିତ ଅତିଥିବୃନ୍ଦ।

ବରଗଡ଼, ୧୦।୪(ପ୍ରେମାନନ୍ଦ ଖମାରୀ)

ବରଗଡ଼ସ୍ଥିତ ବାପୁଜୀ ସ୍ୱତନ୍ତ୍ର ବିଦ୍ୟାଳୟରେ ମଙ୍ଗଳବାର ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ବଧିର ବିଦ୍ୟାଳୟରେ ଅଷ୍ଟମ ଶ୍ରେଣୀର ଶୁଭାରମ୍ଭ କରାଯାଇଥିଲା। ଦୃଷ୍ଟିହୀନ, ବଧିର ଏବଂ ମାନସିକ ଦିବ୍ୟାଙ୍ଗ ବିଦ୍ୟାଳୟର ଶିକ୍ଷକ ଏବଂ ଅଭିଭାବକ ସମ୍ମିଳନୀ ତଥା ଦେବହୁତି ସ୍ମୃତି ସମ୍ମାନ ଅନୁଷ୍ଠିତ ହୋଇଥିଲା। ଉକ୍ତ ସମସ୍ତ କାର୍ଯ୍ୟକ୍ରମରେ ବରଗଡ଼ ବିଧାୟକ ଅଶ୍ୱିନୀ କୁମାର ଷଡ଼ଙ୍ଗୀ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ଡିଏସ୍‌ଏଫ୍ ତାହିର ହୁସେନ, ଦେବହୁତି ଭୋଇ ସ୍ମୃତି ସମ୍ମାନର ମୁଖ୍ୟ ଗୌର ଚନ୍ଦ୍ର ଭୋଇ, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ଡା. ଦିଲ୍ଲୀପ କୁମାର ପଣ୍ଡା, ଉପ ସଭାପତି ସୌଭାଗ୍ୟ ରଞ୍ଜନ ନାୟକ, ସମ୍ପାଦକ ଅରୁଣ କୁମାର ହୋତା, ପ୍ରଧାନ ଶିକ୍ଷକ ଅଭୟ କୁମାର ପଧାନ, କିଶୋର ଚନ୍ଦ୍ର ସାହୁ ଏବଂ ମେଘନାଦ ସାହୁ ମଞ୍ଚାସୀନ ଥିଲେ। ଉକ୍ତ କାର୍ଯ୍ୟକ୍ରମରେ ଶତାଧିକ ଅଭିଭାବକ ଯୋଗ ଦେଇ ମତାମତ ରଖିଥିଲେ। ବିଦ୍ୟାଳୟର ଭବିଷ୍ୟତ ଉନ୍ନତିମୂଳକ କାର୍ଯ୍ୟ ଉପରେ ମୁଖ୍ୟ ଅତିଥି ଗୁରୁତ୍ୱାରୋପ କରିଥିଲେ। ଅମରେଶ ଚନ୍ଦ୍ର ବାରିକଙ୍କ ସହଯୋଗରେ ଦୃଷ୍ଟିହୀନ ଛାତ୍ରୀମାନେ ପ୍ରାରମ୍ଭିକ ସଙ୍ଗୀତ ଗାନ କରିଥିଲେ। ଅତିଥି ବରିହା, ଅଲିମା ଭୁଏ ଓ ଆକାଶ ମେହେରଙ୍କୁ ଦେବହୁତି ଭୋଇ ସ୍ମୃତି ସମ୍ମାନରେ ସମ୍ମାନିତ କରାଯାଇଥିଲା। ପ୍ରଧାନ ଶିକ୍ଷକ ଅଭୟ କୁମାର ପଧାନ ଧନ୍ୟବାଦ ଅର୍ପଣ କରିଥିଲେ।

## ବ୍ୟବସାୟୀଙ୍କ ପରଲୋକ

ପଦ୍ମପୁର,୧୦।୪ (ପ୍ରଦୀପ୍ତ ଦାଶ):



ପଦ୍ମପୁର ଅଞ୍ଚଳର ଜଣାଶୁଣା ବ୍ୟବସାୟୀ ହରିଶଙ୍କର ଅଗ୍ରୱାଲଙ୍କ (୮୦) ପରଲୋକରେ ଶୋକର ଛାଇ ଖେଳିଯାଇଛି। ସେ ଜଣେ ବ୍ୟବସାୟୀ ଥିଲେ ମଧ୍ୟ ମେଳାପୀ, ଧର୍ମ ପରାୟଣ, ପରୋପକାରୀ ବ୍ୟକ୍ତି ଥିଲେ। ମୃତ୍ୟୁ ଖବର ପାଇ ଶତାଧିକ ବ୍ୟକ୍ତି ତାଙ୍କର ଶେଷ ଦର୍ଶନ କରିଥିଲେ। ସେ ତାଙ୍କ ପଛରେ ସହଧର୍ମିଣୀ ଶକୁନ୍ତଳା, ପୁଅ ସୁରେଶ, ଦିନେଶ, ନାତି ପ୍ରଭାତ ଓ ତିଳକଙ୍କୁ ଛାଡି ଯାଇଛନ୍ତି। ସ୍ଥାନୀୟ ଶ୍ମଶାନରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ ହୋଇଥିଲା। ବଡ଼ ପୁଅ ସୁରେଶ ମୁଖାଗ୍ନି ଦେଇଥିଲେ।

## ୨୪ ଘଣ୍ଟା ପରେ ପୋଲିସ ହାତ ଖାଲି

**ଚକୁଳିଫାର୍ମ ଚୋରି ଘଟଣା**

ଅତାବିରା,୧୦।୪(ଯୁଧିଷ୍ଠିର ମହାପାତ୍ର )



ସାବିତ୍ରୀଙ୍କ ଘରେ ଅତାବିରା ପୋଲିସ ତଦନ୍ତ କରୁଛି।

ବରଗଡ଼ ଜିଲା ଅତାବିରା ଥାନା ଅନ୍ତର୍ଗତ ଚକୁଳିଫାର୍ମ ସ୍ଥିତ ନୂଆଁ ଖଇରପାଲି ଗ୍ରାମର କେ. ସାବିତ୍ରୀଙ୍କ ଘରୁ ଚୋରି ଘଟଣାକୁ ଗୁରୁବାର ୨୪ ଘଣ୍ଟାରୁ ଅଧିକ ସମୟ ବିତିଥିଲେ ମଧ୍ୟ ପୋଲିସ ଦୁର୍ବୃତ୍ତଙ୍କ ଟେର ପାଇନାହିଁ। ଘର ମାଲିକାଣୀ କେ. ସାବିତ୍ରୀ ବୁଧବାର ବିଳମ୍ବିତ ରାତ୍ରିରେ ଆନ୍ଧ୍ରରୁ ନିଜ ଚକୁଳିଫାର୍ମ ଘରକୁ ଫେରିଛନ୍ତି। ତେବେ ଗତ ମଙ୍ଗଳବାର ରାତ୍ରିରେ ଚୋରି ହୋଇଥିବାବେଳେ ବୁଧବାର ଅତାବିରା ପୋଲିସ ଅନୁସନ୍ଧାନୀ କୁକୁର, ସାଇଣ୍ଟିଫିକ୍ ଦଳ ସହ ତଦନ୍ତ କରିଥିଲା। ପୋଲିସ ବିଭିନ୍ନ ଦିଗକୁ ନେଇ ତଦନ୍ତ କରୁଥିଲେ ମଧ୍ୟ ଏଯାଏ ବିଶେଷ ସଫଳତା ମିଳିପାରିନାହିଁ।

ସୂଚନାଯୋଗ୍ୟ, ଚକୁଳିଫାର୍ମ ନୂଆଁ ଖଇରପାଲିର ସ୍ୱର୍ଗତ କେ. ସତ୍ୟନାରାୟଣଙ୍କ ବିଧବା ପତ୍ନୀ କେ. ସାବିତ୍ରୀ ଚିକିତ୍ସା ପାଇଁ ଆନ୍ଧ୍ର ପ୍ରଦେଶରେ ଥିଲେ। ଏହାର ସୁଯୋଗରେ ମଙ୍ଗଳବାର ରାତିରେ ତାଙ୍କ ଘରୁ ଏହି ଚୋରି ହୋଇଥିଲା। ଖବର ପାଇ ଗୁରୁବାର ସକାଳେ ସେ ନିଜ ଘରେ ପହଞ୍ଚିବା ପରେ ଅତାବିରା ଥାନାଧିକାରୀ ପ୍ରକାଶ କୁମାର କର୍ଣ୍ଣ,ଏସ୍‌ଆଇ ସସ୍ମିତା ବେହେରା ତାଙ୍କ ବାସଭବନରେ ପହଞ୍ଚି ତଦନ୍ତ କରିଛନ୍ତି। ତେବେ ଘରେ ଥିବା ୬ଗ୍ରାମ ସୁନା, ୨କେ.ଜି ରୂପା, ନଗଦ ୩୦ହଜାର ଟଙ୍କା ଓ ୨ଟି ମୋବାଇଲ ଫୋନ ସହିତ ଲକ୍ଷାଧିକ ଟଙ୍କା ଚୋରି ହୋଇଛି ବୋଲି ସାବିତ୍ରୀ କହିଛନ୍ତି। ଏ ନେଇ ଅତାବିରା ଥାନା ଆଇଆଇସି ପ୍ରକାଶ କର୍ଣ୍ଣଙ୍କୁ ପଚାରିବାରୁ ସେ କହିଲେ, ପୋଲିସ ଏହି ଘଟଣାକୁ ଗୁରୁତ୍ୱର ସହ ନେଇଛି। ଏହାର ବିଭିନ୍ନ ଦିଗକୁ ତର୍ଜମା କରାଯାଉଛି। ଘଟଣାରେ ସାଇବର ତଥ୍ୟ, ସାଇଣ୍ଟିଫିକ୍ ଟିମ୍ ଏବଂ ଡ଼ଗ୍ ମୁମେଣ୍ଟକୁ ନେଇ ତଦନ୍ତ ଜାରି ରହିଛି ବୋଲି ସେ କହିଥିଲେ।

## ରାମ ବନବାସ, ଭରତ ମିଳନ ନାଟକ ମଞ୍ଚସ୍ଥ



ପରିବେଷିତ ନାଟକର ଏକ ଦୃଶ୍ୟ।

ବାଉଁଶୁଣୀ,୧୦।୪( ଦେବାଶିଷ ନେପାକ)

ବୌଦ୍ଧ ଜିଲା ବାଉଁଶୁଣୀ ରାମଲୀଳା ନାଟ୍ୟ ସାଂସଦ ଆନୁକୂଲ୍ୟରେ ୫୯ତମ ଶ୍ରୀରାମଲୀଳା ନାଟ୍ୟ ମହୋତ୍ସବର ଚତୁର୍ଥ ରାଜନୀରେ ଭାରତ ମିଳନ ମଞ୍ଚସ୍ଥ ହୋଇଥିଲା। ଏହି ନାଟକରେ ଦଶରଥ ରାଜାଙ୍କ ମୃତ୍ୟୁ ପରେ ପତ୍ର ଦ୍ୱାରା ଭାରତ ଶତ୍ରୁଘନଙ୍କୁ ଡକାଇ ରାଜସିଂହାସନରେ ବସି ରାଜ୍ୟ ଭାର ତୁଲାଇବା ପାଇଁ ମାତା କୈକେୟୀ ଭରତକୁ କହିଥିଲେ। କିନ୍ତୁ ଏକଥାକୁ ଏଡ଼ାଇ ଭରତ ସମସ୍ତ ସୈନ୍ୟ ସାମନ୍ତ ଧରି ରାମଚନ୍ଦ୍ରଙ୍କୁ ଫେରାଇ ଆଣିବା ପାଇଁ ବନବାସ ବେଶ ଧାରଣକରି ବଣକୁ ଯାତ୍ରା କରିଥିଲେ। ଶେଷରେ ଚିତ୍ରକୂଟଠାରେ ରାମ ଓ ଭରତର ମିଳନ ହୋଇଥିଲା। ଭରତ ରାମଚନ୍ଦ୍ରଙ୍କୁ ଅଯୋଧ୍ୟା ଫେରିଯିବା ପାଇଁ ବାଧ୍ୟ କରିଥିଲେ। ତୃତୀୟ ଦିନରେ ରାମ ବନବାସ ନାଟକ ପର୍ଯ୍ୟବେଷଣ ହୋଇଥିଲା। ନାଟକରେ ଦଶରଥ ଭୂମିକାରେ ହଳଧର ନାୟକ, ରାମ ଭୂମିକାରେ ମନୋଜ ପଣ୍ଡା, ଲକ୍ଷ୍ମଣ ଗିରିଶ ମେହେର, କୈକେୟୀ ଭୀମ ମେହେର, ସୁମିତ୍ରା ମନଭଞ୍ଜନ ମେସୁଆ, କୌଶଲ୍ୟା ସତ୍ୟବାନ ମେହେର, ଅନ୍ୟମାନଙ୍କ ଭିତରେ ଛବିଲ ମେହେର, ହରେକୃଷ୍ଣ ମେହେର, ଖମାପୁରୀ ମେହେର, ପୀତାମ୍ବର ମେହେର ଭିନ୍ନ ଭିନ୍ନ ଭୂମିକାରେ ଅଭିନୟ କରିଥିଲେ। ନାଟକ ଦେଖିବାକୁ ଶହ ଶହ ସଂଖ୍ୟାରେ ଦର୍ଶକଙ୍କ ସମାଗମ ହୋଇଥିଲା।

## ୧୨୨ ଦୋକାନ ଗୃହ ଉଦ୍‌ଘାଟିତ

ଅତାବିରା,୧୦।୪(ଯୁଧିଷ୍ଠିର ମହାପାତ୍ର)

ବରଗଡ଼ ଅତାବିରା ନିୟନ୍ତ୍ରିତ ବଜାର କମିଟି ଅଧୀନ ଅତାବିରା ଓ ଗୋଡ଼ଭଗାରେ ନିର୍ମିତ ୧୨୨ଟି ଦୋକାନ ଗୃହକୁ ସମବାୟ, ହସ୍ତତନ୍ତ, ବୟନଶିଳ୍ପ ଏବଂ ହସ୍ତଶିଳ୍ପ ମନ୍ତ୍ରୀ ପ୍ରଦୀପ ବଳ ସାମନ୍ତ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଗୁରୁବାର ସନ୍ଧ୍ୟାରେ ଉଦ୍‌ଘାଟନ କରିଛନ୍ତି। ଏଥିରେ ଅତାବିରା ମୁଖ୍ୟ ମଣ୍ଡିରେ ୨କୋଟି ୪୦ଲକ୍ଷ ଟଙ୍କାରେ ୭୮ଟି ଦୋକାନ ଗୃହ ଏବଂ ଗୋଡଭଗା ମଣ୍ଡିରେ ୨କୋଟି ଟଙ୍କାରେ ୪୪ଟି ଦୋକାନ ଗୃହ ରହିଛି। ବିପଣନ ବ୍ୟବସ୍ଥା ସୁଦୃଢ ହେଲେ କୃଷକଙ୍କ ଜୀବନଜୀବିକା ସୁରକ୍ଷିତ ହେବ ବୋଲି ମନ୍ତ୍ରୀ କହିଥିଲେ। ଏହାସହିତ ଝିଲିମିଣ୍ଡା ଗ୍ରାମକୁ କ୍ରାଫ୍ଟ ଗ୍ରାମ ରୂପେ ଘୋଷଣା କରି ୨କୋଟି ୮ଲକ୍ଷ ଟଙ୍କାର ଅନୁଦାନ ଘୋଷଣା କରିଥିଲେ। ଏହି ଅବସରରେ ଅତାବିରା ମଣ୍ଡି ପରିସରରେ ଅର୍ଚ୍ଚନା ବାଗଙ୍କ ପରିଚାଳନାରେ ଅନୁଷ୍ଠିତ ସଭାରେ ବରଗଡ଼ ଏମ୍‌ପି ପ୍ରଦୀପ ପୁରୋହିତ, ଅତାବିରା ବିଧାୟକ ନିହାର ରଞ୍ଜନ ମହାନନ୍ଦ, ବରଗଡ଼ ବିଧାୟକ ଅଶ୍ୱିନୀ ଷଡ଼ଙ୍ଗୀ, ଜିଲାପାଳ ଆଦିତ୍ୟ ଗୋୟଲ, ଉପଜିଲାପାଳ ପ୍ରସନ୍ନ କୁମାର ପାଣ୍ଡେ ସମ୍ମାନୀତ ଅତିଥି ଭାବେ ମଞ୍ଚାସିନ ଥିଲେ। ଓଡ଼ିଶା ରାଜ୍ୟ କୃଷକ ସଙ୍ଗଠନ ଅତାବିରାର ସଭାପତି ବୀରେନ୍ଦ୍ର କରଙ୍କ ନେତୃତ୍ୱରେ ସଙ୍ଗଠନର ସଦସ୍ୟମାନେ ଚାଷୀମାନଙ୍କ ବିଭିନ୍ନ ସମସ୍ୟା ନେଇ ମନ୍ତ୍ରୀଙ୍କୁ ଏକ ଦାବିପତ୍ର ପ୍ରଦାନ କରିଥିଲେ। ଅତାବିରା ତହସିଲଦାର କେ.ରୀଚି କୁମାର, ଅତିରିକ୍ତ ତହସିଲଦାର ଅଙ୍କିତ ପଣ୍ଡା, ବିଡ଼ିଓ ରୀପୁନାଥ ସୁନା, ଭାଜପା ଜିଲା ସଭାପତି ଡା. ଅରୁପାନନ୍ଦ ସାହୁ, ସମ୍ପାଦକ କୁଶ କୁମାର, ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ସୌରୀ ବାରିକ, ଆର୍‌ଏମ୍‌ସି ସମ୍ପାଦକ ଶଶାଙ୍କ ଶେଖର ସାହାଣୀ, ଆର୍‌ଏମ୍‌ସି କର୍ମଚାରୀ, ଭାଜପା କାର୍ଯ୍ୟକର୍ତ୍ତା, ମହିଳା ଗୋଷ୍ଠୀ ସଦସ୍ୟା ଉପସ୍ଥିତ ଥିଲେ।

## ବିକାଶ ନର୍ସିଂ କଲେଜରେ ବିଶ୍ୱ ସ୍ୱାସ୍ଥ୍ୟ ଦିବସ




ବିଶ୍ୱ ସ୍ୱାସ୍ଥ୍ୟ ଦିବସ ଅବସରରେ ବିକାଶ ନର୍ସିଂ କଲେଜ ଛାତ୍ରୀଙ୍କ ସଚେତନତା ଶୋଭାଯାତ୍ରା।

ବରଗଡ଼,୧୦।୪(ପ୍ରେମାନନ୍ଦ ଖମାରୀ)

ବିକାଶ ହାୟର ଏଜୁକେଶନାଲ ଇନ୍‌ଷ୍ଟିଚ୍ୟୁଶନ୍ସ ଅନ୍ତର୍ଗତ ବିକାଶ ନର୍ସିଂ କଲେଜ ପକ୍ଷରୁ ବିଶ୍ୱ ସ୍ୱାସ୍ଥ୍ୟ ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ କଲେଜର ଅଧକ୍ଷା ଦୀପାଞ୍ଜଳି ପଟେଲଙ୍କ ତତ୍ତ୍ୱାବଧାନରେ ଛାତ୍ରୀଛାତ୍ରଙ୍କ ମଧ୍ୟରେ ପୋଷ୍ଟର ପ୍ରତିଯୋଗିତା ହୋଇଥିଲା। କଲେଜ ନିକଟସ୍ଥ ଆମ୍ବସଡ଼ା ଅଙ୍ଗନୱାଡ଼ି କେନ୍ଦ୍ରରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଗ୍ରାମର ସମସ୍ତ ଗର୍ଭବତୀ ମହିଳା, ସ୍ତନ୍ୟପାନ କରାଉଥିବା ମହିଳା, ନବଜାତ ଶିଶୁ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମ ପ୍ରାରମ୍ଭରେ ଆମ୍ବସଡ଼ା ଗାଁ ମୁଣ୍ଡରୁ ଏକ ସଚେତନତା ଶୋଭାଯାତ୍ରା ବାହାରି ଗ୍ରାମର ଅଙ୍ଗନୱାଡ଼ି କେନ୍ଦ୍ରରେ ପହଞ୍ଚିଥିଲା। ଏଥିରେ ବିକାଶ ନର୍ସିଂ କଲେଜର ସମସ୍ତ ଛାତ୍ରୀଛାତ୍ର ଉପସ୍ଥିତ ଥିଲେ। ବିଏସ୍‌ସି ନର୍ସିଂ ସପ୍ତମ ସେମିଷ୍ଟର ଏବଂ ଏଏନ୍‌ଏମ୍ ଦ୍ୱିତୀୟ ବର୍ଷର ଛାତ୍ରୀଛାତ୍ରମାନେ ସୁସ୍ଥ ଗର୍ଭାବସ୍ଥା, ନବଜାତ ଶିଶୁର ଯତ୍ନ ଉପରେ କ୍ଷୁଦ୍ର ନାଟକ ପରିବେଷଣ କରିଥିଲେ। ନର୍ସିଂ କଲେଜର ଅଧାପିକା ଆରାଧନା ଦିଗଲ, ସୀମାଞ୍ଜଳି ପ୍ରଧାନ, କଳ୍ପନା ପୋଡ଼ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଅଙ୍ଗନୱାଡ଼ି କର୍ମୀ ଖଗେଶ୍ୱରୀ ଭୋଇ ସହଯୋଗ କରିଥିଲେ।

## ସୋଲାର ଷ୍ଟ୍ରାଇକର, ୟଙ୍ଗ ଫାଇଟର ବିଜୟୀ

ଅମରପାଲି, ୧୦।୪(ପୀତାମ୍ବର ସାହୁ)

**୨ୟ ବହଲପଦର ପ୍ରିମିୟର ଲିଗ୍ କ୍ରିକେଟ**

ସୁବର୍ଣ୍ଣପୁର ଜିଲା ବୀରମହାରାଜପୁର ବ୍ଲକ ବହଲପଦର ପ୍ରିମିୟର ଲିଗ କ୍ରିକେଟର ଗୁରୁବାର ଦୁଇଟି ମ୍ୟାଚ ହୋଇଥିଲା। ପ୍ରଥମ ମ୍ୟାଚରେ କିଙ୍ଗ କୋବ୍ରାକୁ ହରାଇ ସୋଲାର ଷ୍ଟ୍ରାଇକର ବିଜୟୀ ହୋଇଥିବା ବେଳେ ଦ୍ୱିତୀୟ ମ୍ୟାଚରେ ନଟରାଜ ଫାଇଟରସ୍‌କୁ ହରାଇ ୟଙ୍ଗ ଫାଇଟର ବିଜୟୀ ହୋଇଛି। କିଙ୍ଗ କୋବ୍ରା ପ୍ରଥମେ ବ୍ୟାଟିଂ କରି ୧୦ ଓଭରରେ ୯ ଉଇକେଟ ହରାଇ ୮୭ରନ କରିଥିଲା। ଜବାବରେ ସୋଲାର ଷ୍ଟ୍ରାଇକର ଦଳ ୫.୨ ଓଭରରେ ଗୋଟିଏ ଉଇକେଟ ହରାଇ ୯୩ ରନ କରି ବିଜୟୀ ହୋଇଥିଲା। ଦ୍ୱିତୀୟ ମ୍ୟାଚରେ ନଟରାଜ ଫାଇଟର ଦଳ ୧୦ ଓଭରରେ ୫ ଉଇକେଟ ହରାଇ ୧୧୮ ରନ କରିଥିଲା। ଜବାବରେ ୟଙ୍ଗ ଫାଇଟର ଦଳ ଆବଶ୍ୟକ ୧୧୯ ରନକୁ ୯ ଓଭରରେ ୩ ଉଇକେଟ ହରାଇ ସଂଗ୍ରହ କରି ବିଜୟୀ ହୋଇଥିଲା। ମ୍ୟାଚଗୁଡିକରେ ସତ୍ୟରାଜ ମହାକୁର ଓ ଆଲୋକ ଭୋଇ ଅମ୍ପାୟର ଭାବେ ଖେଳ ପରିଚାଳନା କରିଥିବା ବେଳେ ଜଗା ଦେହୁରୀ ଅନ ଲାଇନ ସ୍କୋରିଙ୍ଗ, ଆଶିଷ ଜଗଦଲା ସ୍କୋରିଙ୍ଗ କରିଥିଲେ।

## କୈବର୍ତ୍ତ ମହାସଭାର ଚୈତ୍ର ମହୋତ୍ସବ

ବରଗଡ଼,୧୦।୪(ପ୍ରେମାନନ୍ଦ ଖମାରୀ)

ବରଗଡ଼ ଗୋବିନ୍ଦପାଲି ମହାଦେବ ମନ୍ଦିର କଲ୍ୟାଣ ମଣ୍ଡପ ପରିସରରେ ବୁଧବାର ଜିଲାସ୍ତରୀୟ କୈବର୍ତ୍ତ ମହାସଭା ପକ୍ଷରୁ ଚୈତ୍ର ମହୋତ୍ସବ ପାଳିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ବରଗଡ଼ ବିଧାୟକ ଅଶ୍ୱିନୀ ଷଡ଼ଙ୍ଗୀ ମୁଖ୍ୟ ଅତିଥି ଏବଂ ରାଜ୍ୟ କାର୍ଯ୍ୟକାରୀ ସଭାପତି ମନୋଜ ବେହେରା ମୁଖ୍ୟ ବକ୍ତା ଭାବେ ଯୋଗଦାନ କରିଥିଲେ। ସେହିପରି ବଲାଙ୍ଗୀର ଜିଲା ସଭାପତି କଂସାରୀ ନାୟକ, ସୋନପୁର ଜିଲା ସଭାପତି ପବିତ୍ର ସାହୁ ସମ୍ମାନିତ ଅତିଥି ଭାବେ ଉପସ୍ଥିତ ଥିଲେ। ଜିଲା କାର୍ଯ୍ୟକାରୀ ସଭାପତି ଦେବାର୍ଚ୍ଚନ ନାଏକ ସଭାପତିତ୍ୱ କରିଥିଲେ। ଜିଲା ସଙ୍ଗଠନ ସମ୍ପାଦକ ନାରାୟଣ ସେଟ୍, ରତନ ନାଏକ, ବିକ୍ରମ ବିଶି, ବ୍ଲକ ସଭାପତି ପୁରନ୍ଦର ସେଟ୍‌ଙ୍କ ସମେତ ବରଗଡ଼ ଜିଲା ସମସ୍ତ ବ୍ଲକର କର୍ମକର୍ତ୍ତା ଉପସ୍ଥିତ ଥିଲେ। ଏହି ଅବସରରେ କୈବର୍ତ୍ତ ସମ୍ବିଧାନ ଉନ୍ମୋଚିତ ହୋଇଥିଲା। ଉକ୍ତ ମହୋତ୍ସବରେ କୈବର୍ତ୍ତ ସମାଜର ବହୁ ସଦସ୍ୟା ସଦସ୍ୟ ଉପସ୍ଥିତ ଥିଲେ।

## ଉଦ୍ୟାନ ବିଭାଗ କର୍ମଚାରୀଙ୍କ ରକ୍ତଦାନ

ବରଗଡ,୧୦।୪(ପ୍ରେମାନନ୍ଦ ଖମାରୀ)

ଓଡ଼ିଆ ପକ୍ଷ ପାଳନର ଅଷ୍ଟମ ଦିବସ ଅବସରରେ ବରଗଡ ଜିଲାର ପୁରୁଣା ମୁଖ୍ୟ ଚିକିତ୍ସାଳୟ ସ୍ଥିତ ରକ୍ତ ଭଣ୍ଡାର ଏବଂ ଖଣ୍ଡହତାଠାରେ ଆୟୋଜିତ ରକ୍ତଦାନ ଶିବିରରେ ସମାଜର ବିଭିନ୍ନ ସ୍ତରର ଲୋକମାନେ ସ୍ୱେଚ୍ଛାକୃତ ରକ୍ତଦାନ କରିଛନ୍ତି। ଏହି ଅବସରରେ ମୋଟ ୮୫ ୟୁନିଟ ରକ୍ତ ସଂଗ୍ରହ କରାଯାଇଥିଲା। କାର୍ଯ୍ୟକ୍ରମରେ ବରଗଡ଼ ଏବଂ ପଦ୍ମପୁର ଉପଖଣ୍ଡରୁ ଉଦ୍ୟାନ ବିଭାଗ କର୍ମଚାରୀ ଓ ଚାଷୀ ଯୋଗଦେଇ ରକ୍ତଦାନ କରିଥିଲେ। ଜିଲା ମୁଖ୍ୟ କୃଷି ଅଧିକାରୀ ପ୍ରସନ୍ନ କୁମାର ମିଶ୍ର, ବରଗଡ଼ ସହକାରୀ ଉଦ୍ୟାନ କୃଷି ନିର୍ଦ୍ଦେଶକ ଗୋବିନ୍ଦ ଚନ୍ଦ୍ର ପଣ୍ଡା ଏବଂ ଉଦ୍ୟାନ ବିଭାଗର କର୍ମଚାରୀ ରାଜବାଳା ମହାପାତ୍ର, ସ୍ୱାମିନୀ ଭୋଇ, ପ୍ରମୋଦ କୁମାର ଶବର, ନିହାରକାନ୍ତ ଭୋଇ, ଯୁବରାଜ ସାମିନି, ସୁଶ୍ରୀ ଏଡଲିନ ବାରଲା, ଅଭିଜିତ କୁମାର ବିଶି, ଦୀପିକା ପାତ୍ର ଏବଂ ତାପତିମୟୀ ପଣ୍ଡା ପ୍ରମୁଖ ରକ୍ତଦାନ କରିଥିଲେ। ଲିଡ୍ ବ୍ୟାଙ୍କ ପରିଚାଳକ ମହେଶ୍ୱର ସାହୁ ଏବଂ ପଦ୍ମପୁରର ସହକାରୀ ଉଦ୍ୟାନ କୃଷି ନିର୍ଦ୍ଦେଶକ ଗୋବିନ୍ଦ ପ୍ରଧାନ ଉପସ୍ଥିତ ଥିଲେ। ଜିଲାପାଳ ଆଦିତ୍ୟ ଗୋୟଲ ରକ୍ତଦାତାମାନଙ୍କୁ ଧନ୍ୟବାଦ ଜଣାଇଥିଲେ।




ଶିବିରରେ ରକ୍ତ ସଂଗ୍ରହ କରାଯାଉଛି।

## ସାର୍ଟିଫିକେଟ୍ ନକଲି, ଚାକିରି ଅସଲି

ବରଗଡ଼,୧୦।୪(ପ୍ରେମାନନ୍ଦ ଖମାରୀ)



**ଏସ୍‌ଡିସିସି ବ୍ୟାଙ୍କ କର୍ମଚାରୀ ନିଯୁକ୍ତିରେ ଜାଲିଆତି**

- ଚତୁର୍ଥ ଶ୍ରେଣୀ କର୍ମଚାରୀ ନିଲମ୍ବିତ
- ନକଲି ପ୍ରମାଣପତ୍ରରେ ପଦୋନ୍ନତି
- ଆହୁରି କର୍ମଚାରୀ ବିଦା ହେବା ସମ୍ଭାବନା

ବରଗଡ଼ସ୍ଥିତ ସମ୍ବଲପୁର ଜିଲା ସମବାୟ କେନ୍ଦ୍ର (ଏସ୍‌ଡିସିସି) ବ୍ୟାଙ୍କ କର୍ମଚାରୀ ନିଯୁକ୍ତିରେ ଏକ ବଡ଼ଧରଣର ଜାଲିଆତି ଅଭିଯୋଗ ହୋଇଛି। ଅତାବିରା ବିଧାୟକ ନୀହାର ରଞ୍ଜନ ମହାନନ୍ଦ ଏହି ପ୍ରସଙ୍ଗ ବିଧାନସଭାରେ ଉପସ୍ଥାପନ କରିବା ପରେ ଏହାର ଖୋଳତାଡ଼ ଆରମ୍ଭ ହୋଇଛି। ନକଲି ଶିକ୍ଷାଗତ ପ୍ରମାଣପତ୍ର ପ୍ରଦାନ କରି ଉକ୍ତ ବ୍ୟାଙ୍କରେ ଅନେକ କର୍ମଚାରୀ ଚାକିରି ହାତେଇଥିବା ଅଭିଯୋଗ ହୋଇଛି। କେବଳ ସେତିକି ନୁହେଁ, ସେଭଳି ଜାଲିଆତିରେ ସମ୍ପୃକ୍ତ ଏକାଧିକ କର୍ମଚାରୀଙ୍କ ପଦୋନ୍ନତି ମଧ୍ୟ ହୋଇସାରିଛି। ଏହି ଘଟଣାରେ ଇତିମଧ୍ୟରେ ଜଣେ ଚତୁର୍ଥ ଶ୍ରେଣୀ କର୍ମଚାରୀ (ସପୋର୍ଟିଂ ଷ୍ଟାଫ୍) କାମାକ୍ଷା ପ୍ରସାଦ ମହାନନ୍ଦଙ୍କୁ ନିଲମ୍ବିତ କରାଯାଇଥିବାବେଳେ ଅନ୍ୟ କର୍ମଚାରୀଙ୍କ ଶିକ୍ଷାଗତ ପ୍ରମାଣପତ୍ର ଯାଞ୍ଚ ଚାଲିଛି। ଯାଞ୍ଚ ପ୍ରକ୍ରିୟା ସରିବା ପରେ ଆହୁରି କର୍ମଚାରୀ ଚାକିରିରୁ ବିଦା ହେବେ ବୋଲି ଅନୁମାନ କରାଯାଉଛି।

ସୂଚନା ଅନୁଯାୟୀ, ଏସ୍‌ଡ଼ିସିସି ବ୍ୟାଙ୍କରେ କାର୍ଯ୍ୟରତ ଏକାଧିକ କର୍ମଚାରୀ ବିଭିନ୍ନ ବିଶ୍ୱବିଦ୍ୟାଳୟ ନାଁରେ ଶିକ୍ଷାଗତ ପ୍ରମାଣପତ୍ର ତଥା ଡିଗ୍ରୀ ସାର୍ଟିଫିକେଟ୍ ଦାଖଲ କରି ଚାକିରି ହାତେଇଛନ୍ତି। କାର୍ଯ୍ୟରତ ୧୭୪ କର୍ମଚାରୀଙ୍କ ଶିକ୍ଷାଗତ ପ୍ରମାଣପତ୍ର ଯାଞ୍ଚ ଚାଲିଛି। ଏଥିପାଇଁ ଏକ ସ୍ୱତନ୍ତ୍ର ଟିମ୍ ଗଠନ କରାଯାଇଛି। ସେହି ଟିମ୍ ରାଜ୍ୟ ତଥା ରାଜ୍ୟ ବାହାରେ ରହିଥିବା ବିଭିନ୍ନ ବିଶ୍ୱବିଦ୍ୟାଳୟକୁ ଶିକ୍ଷାଗତ ପ୍ରମାଣପତ୍ରର ଯାଞ୍ଚ ପାଇଁ ଯାଇଥିବା ସୂଚନା ମିଳିଛି। ଉକ୍ତ ବିଶ୍ୱବିଦ୍ୟାଳୟ ଗୁଡ଼ିକରେ ପ୍ରମାଣପତ୍ର ଯାଞ୍ଚ ପରେ ଆଉ କେଉଁ କର୍ମଚାରୀ ନକଲି ଶିକ୍ଷାଗତ ପ୍ରମାଣପତ୍ର ପ୍ରଦାନ କରି ଚାକିରି ହାତେଇଛନ୍ତି ତାହା ସ୍ପଷ୍ଟ ହୋଇଯିବ।

ଏ ସମ୍ପର୍କରେ ଉକ୍ତ ବ୍ୟାଙ୍କର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ(ସିଇଓ) ଭକ୍ତେଶ୍ୱର ମଲ୍ଲିକ କହିଛନ୍ତି, ବ୍ୟାଙ୍କରେ ନକଲି ଶିକ୍ଷାଗତ ପ୍ରମାଣପତ୍ର ଦାଖଲ କରି କର୍ମଚାରୀଙ୍କୁ ନିଯୁକ୍ତି ଦିଆଯାଇଥିବା ଅଭିଯୋଗ ମିଳିବା ପରେ ଏହାର ତଦନ୍ତ ପ୍ରକ୍ରିୟା ଚାଲିଛି। ବ୍ୟାଙ୍କରେ କାର୍ଯ୍ୟରତ ୧୭୪କର୍ମଚାରୀଙ୍କ ମଧ୍ୟରୁ ୯୩ଜଣଙ୍କ ଶିକ୍ଷାଗତ ପ୍ରମାଣପତ୍ର ଯାଞ୍ଚ ଶେଷ ହୋଇଛି। ମାସକ ମଧ୍ୟରେ ଅବଶିଷ୍ଟ କର୍ମଚାରୀଙ୍କ ଯାଞ୍ଚ ସରିଯିବ। ଯାଞ୍ଚରେ ଯେଉଁ କର୍ମଚାରୀଙ୍କ ଶିକ୍ଷାଗତ ପ୍ରମାଣପତ୍ର ନକଲି ବୋଲି ଜଣାପଡ଼ିଲା, ତାଙ୍କ ବିରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ସେ କହିଛନ୍ତି। ସେହିପରି ସୋମବାର ସମବାୟ ମନ୍ତ୍ରୀ ପ୍ରଦୀପ ବଳ ସାମନ୍ତ ବରଗଡ଼ ଗସ୍ତରେ ଆସିଥିବାବେଳେ ଏ ସମ୍ପର୍କରେ ପଚାରିବାରୁ ଏଭଳି ଜାଲିଆତି ଘଟଣାରେ କାହାକୁ ଛଡ଼ାଯିବ ନାହିଁ। ସବୁ ମୂଷା ଯନ୍ତାରେ ପଡ଼ିବେ ବୋଲି ସେ କହିଥିଲେ।

ଧରିତ୍ରୀ
DHARITRI
51 Years

www.orissakhabar.com/ www.dharitri.com ପୃଷ୍ଠା ୧୨ Press Regd. No. R.N. 21326/74 Postal Regd. No. BN/42/24-26. ଭୁବନେଶ୍ୱର, ଶୁକ୍ରବାର, ଏପ୍ରିଲ ୧୧/୨୦୨୫ Bhubaneswar, Friday, April 11/ 2025

# ଦିଲ୍ଲୀର ବିଜୟ ଧାରା ଜାରି



ଉଇକେଟ ନେବାପରେ ଉଲ୍ଲସିତ ଦିଲ୍ଲୀ ଖେଳାଳି।

**ବେଙ୍ଗାଲୁରୁ,୧୦।୪**

ବୋଲରଙ୍କ ମାପଚୁପ ବୋଲିଂ ଏବଂ ଲୋକେଶ ରାହୁଲଙ୍କ ବିସ୍ଫୋରକ ଅର୍ଦ୍ଧଶତକ ବଳରେ ଦିଲ୍ଲୀ କ୍ୟାପିଟାଲ୍ସ (ଡିସି) ୬ ଉଇକେଟରେ ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ (ଆର୍‌ସିବି)କୁ ପରାସ୍ତ କରିଛି। ଏହି ବିଜୟ ସହ ଦିଲ୍ଲୀ ଚଳିତ ଲିଗ୍‌ର ଏକମାତ୍ର ଦଳ ଭାବେ ତା'ର ଅପରାଜେୟ ଧାରା ଜାରି ରଖିଛି। ଏହା ଦିଲ୍ଲୀ ପାଇଁ କ୍ରମାଗତ ଚତୁର୍ଥ ବିଜୟ ହୋଇଥିବା ବେଳେ ବେଙ୍ଗାଲୁରୁ ଲାଗି ଏହା ଦ୍ୱିତୀୟ ପରାଜୟ।

ଆମନ୍ତ୍ରଣ ପାଇ ପ୍ରଥମେ ବ୍ୟାଟିଂ କରିଥିବା ବେଙ୍ଗାଲୁରୁକୁ ଫିଲିପ ସଲ୍ଟ ଓ ବିରାଟ କୋହଲି ବିସ୍ଫୋରକ ଆରମ୍ଭ ଦେଇଥିଲେ। ଦୁହେଁ ପ୍ରଥମ ଉଇକେଟରେ ୩.୫ ଓଭରରେ ୬୧ ରନ କରିଥିଲେ। ଆଟାକିଂ ବ୍ୟାଟିଂ କରୁଥିବା ସଲ୍ଟ ଦୁର୍ଭାଗ୍ୟବଶତଃ ରନ ଆଉଟ ହୋଇଥିଲେ। ଆଉଟ ହେବା ପୂର୍ବରୁ ସେ ୧୭ ବଲରେ ୪ ଚୌକା ଓ ୩ ଛକା ସହିତ ୩୭ ରନ କରିଥିଲେ। ତାଙ୍କ ଉଇକେଟ ପଡ଼ିବା ପରେ ବେଙ୍ଗାଲୁରୁ କ୍ରମାଗତ ବ୍ୟବଧାନରେ ଉଇକେଟ ହରାଇଥିଲା। ଦେବଦତ୍ତ ପଡିକଲ ୧ ଓ କୋହଲି ୧୪ ବଲରେ ୧ ଚୌକା ଓ ୨ ଛକା ସହିତ ୨୨ ରନ କରି ଆଉଟ ହୋଇଥିଲେ। ଅଧିନାୟକ ରଜତ ପଟିଦାର ୨୩ ବଲରେ ୧ ଲେଖାଏ ଚୌକା ଓ ଛକା ସହିତ ୨୫ ରନ କରି ଆଉଟ ହୋଇଥିଲେ। ଶେଷ ଆଡ଼କୁ ଟିମ ଡେଭିଡ ୨୦ ବଲରେ ୨ ଚୌକା ଓ ୪ ଛକା ସହିତ ୩୭ ରନ କରି ଦଳକୁ ଏକ ଚ୍ୟାଲେଞ୍ଜିଂ ସ୍କୋର ପ୍ରଦାନ କରିଥିଲେ। ତାଙ୍କୁ କ୍ରୁନାଲ ପାଣ୍ଡ୍ୟା ୧୮ (୧ ଚୌକା) ଉପଯୁକ୍ତ ସମର୍ଥନ ପ୍ରଦାନ କରିଥିଲେ। ଫଳରେ ଆର୍‌ସିବି ନିର୍ଦ୍ଧାରିତ ୨୦ ଓଭରରେ ୭ ଉଇକେଟ ହରାଇ ୧୬୩ ରନ କରିବାକୁ ସକ୍ଷମ ହୋଇଥିଲା। ଦିଲ୍ଲୀ ପକ୍ଷରୁ କୁଲଦୀପ ଯାଦବ ଓ ବିପ୍ରଜ ନିଗମ ଦୁଇଟି ଲେଖାଏ ଉଇକେଟ ନେଇଥିଲେ। ଜବାବରେ ଦିଲ୍ଲୀ ମଧ ପ୍ରାରମ୍ଭିକ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। ଦଳ ୫୮ ରନ ମଧ୍ୟରେ ଫାଫ ଡୁ'ପ୍ଲେସିସ (୨), ଜେକ ଫ୍ରେଜର ମ୍ୟାକଗର୍କ (୭) ଓ ଅଭିଶେକ ପୋରେଲ (୭) ଓ ଅଧିନାୟକ ଅକ୍ଷର ପଟେଲ(୧୫)ଙ୍କ ଉଇକେଟ ହରାଇଥିଲା। ଏହାପରେ ଲୋକେଶ ରାହୁଲ ଓ ତ୍ରିସ୍ତାନ ଷ୍ଟବ୍ସ ଅବିଭାଜିତ ପଞ୍ଚମ ଉଇକେଟରେ ୧୧୧ ରନ ଯୋଡ଼ିଥିଲେ। ରାହୁଲ ୫୩ ବଲରେ ୯୩ (୭ ଚୌକା ଓ ୬ ଛକା) ଓ ଷ୍ଟବ୍ସ ୨୩ ବଲରେ ୩୮ (୪ ଚୌକା ଓ ୧ ଛକା) ରନ କରି ଅପରାଜିତ ରହିଥିଲେ।

**ସଂକ୍ଷିପ୍ତ ସ୍କୋର**

ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ: ୨୦ ଓଭରରେ ୧୬୩/୭ (ଫିଲ୍ ସଲ୍ଟ-୩୭, ଟିମ ଡେଭିଡ-୩୭*, ରଜତ ପଟିଦାର-୨୫, ବିରାଟ କୋହଲି-୨୨, କୁଲଦୀପ ଯାଦବ-୨/୧୭, ବିପ୍ରଜ ନିଗମ-୨/୧୮)। ଦିଲ୍ଲୀ କ୍ୟାପିଟାଲ୍ସ: ୧୭.୫ ଓଭରରେ ୧୬୯/୪ (ଲୋକେଶ ରାହୁଲ-୯୩*, ତ୍ରିସ୍ତାନ ଷ୍ଟବକ୍ସ-୩୮*, ଭୁବନେଶ୍ୱର କୁମାର-୨/୨୬, ସୁୟଶ ଶର୍ମା-୧/୨୫)।

### ଆଇପିଏଲ୍ କାର୍ଯ୍ୟସୂଚୀ

(ଆଜିର ମ୍ୟାଚ୍)

**ଚେନ୍ନାଇ ବନାମ କୋଲକାତା**

ସ୍ଥାନ: ଚେନ୍ନାଇ

ସମୟ: ସନ୍ଧ୍ୟା ୭.୩୦

ପ୍ରସାରଣ: ଷ୍ଟାର ସ୍ପୋର୍ଟ୍ସ

### ଆଇପିଏଲ୍ ପଏଣ୍ଟ ଟେବୁଲ

| ଦଳ | ମ୍ୟାଚ | ବିଜୟ | ପରାଜୟ | ପଏଣ୍ଟ | ରନ ହାର |
|---|---|---|---|---|---|
| ଗୁଜରାଟ ଟାଇଟନ୍ସ | ୫ | ୪ | ୧ | ୮ | +୧.୪୧୩ |
| ଦିଲ୍ଲୀ କ୍ୟାପିଟାଲ୍ସ | ୪ | ୪ | ୦ | ୮ | +୧.୨୭୮ |
| ରୟାଲ ଚ୍ୟାଲେଞ୍ଜର୍ସ ବେଙ୍ଗାଲୁରୁ | ୫ | ୩ | ୨ | ୬ | +୦.୫୩୯ |
| ପଞ୍ଜାବ କିଙ୍ଗ୍ସ | ୪ | ୩ | ୧ | ୬ | +୦.୨୮୯ |
| ଲକ୍ଷ୍ନୌ ସୁପର ଜାଏଣ୍ଟ୍ସ | ୫ | ୩ | ୨ | ୬ | +୦.୦୭୮ |
| କୋଲକାତା ନାଇଟ ରାଇଡର୍ସ | ୫ | ୨ | ୩ | ୪ | +୦.୦୫୬ |
| ରାଜସ୍ଥାନ ରୟାଲ୍ସ | ୫ | ୨ | ୩ | ୪ | -୦.୭୩୩ |
| ମୁମ୍ବାଇ ଇଣ୍ଡିଆନ୍ସ | ୫ | ୧ | ୪ | ୨ | -୦.୦୧୦ |
| ଚେନ୍ନାଇ ସୁପର କିଙ୍ଗ୍ସ | ୫ | ୧ | ୪ | ୨ | -୦.୮୮୯ |
| ସନ୍‌ରାଇଜର୍ସ ହାଇଦ୍ରାବାଦ | ୫ | ୧ | ୪ | ୨ | -୧.୬୨୯ |

## ପାରା ଫେନ୍ସିଂ ସାଟେଲାଇଟ୍ କପ୍‌ରେ ୩ ଓଡ଼ିଆ


ଫେନ୍ସିଂ ସାଟେଲାଇଟ୍ କପ୍‌ରେ ଭାଗ ନେଇଥିବା ଓଡ଼ିଶାର ୩ ଖେଳାଳି।

**ଭୁବନେଶ୍ୱର,୧୦।୪ (ଅନାଦି କର)**

ଆଜିଠାରୁ ୧୩ ତାରିଖ ପର୍ଯ୍ୟନ୍ତ ହଂକଂରେ ହେବାକୁ ଥିବା ହୁଇଲ ପାରା ଫେନ୍ସିଂ ସାଟେଲାଇଟ୍ କପ୍‌ରେ ଭାରତ ପକ୍ଷରୁ ଓଡ଼ିଶାର ୩ ଜଣ ପ୍ରତିନିଧିତ୍ୱ କରିବେ। ସେମାନେ ହେଲେ ଭି ରମେଶ ରାଓ, ରାଖାଲ କୁମାର ସେଠୀ ଓ ମାଳତୀ ପାନାଉରେ। ସମସ୍ତେ ବ୍ୟକ୍ତିଗତ ଇଭେଣ୍ଟରେ ଭାଗ ନେବେ। ଏମାନେ ସମସ୍ତେ ଉଚ୍ଚସ୍ତରର ଖେଳ ପ୍ରଦର୍ଶନ କରି ଭାରତୀୟ ଦଳରେ ସ୍ଥାନ ପାଇଛନ୍ତି। ପାରା ସ୍ପୋର୍ଟ୍ସ ଆସୋସିଏସନ ଅଫ ଓଡ଼ିଶାର ସଭାପତି କମଳାକାନ୍ତ ରଥ, ସମ୍ପାଦକ ସୁନୀଲ ପ୍ରଧାନ ଓ ପାରା ଫେନ୍ସିଂ ଓଡ଼ିଶାର ଚେୟାରପର୍ସନ ବେଲା ଜୟସ୍ୱାଲ ଭାରତୀୟ ଦଳରେ ସ୍ଥାନ ପାଇଥିବା ଖେଳାଳିଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।

## ମଧ୍ୟ ପ୍ରଦେଶ, କର୍ନାଟକ କ୍ୱାର୍ଟରରେ

**ଝାନ୍‌ସୀ, ୧୦।୪ (ପି.ଟି.)**

ହକି ମଧ୍ୟ ପ୍ରଦେଶ ଓ ହକି କର୍ନାଟକ ଏଠାରେ ଚାଲିଥିବା ୧୫ତମ ହକି ଇଣ୍ଡିଆ ପୁରୁଷ ଜାତୀୟ ସିନିୟର ଚାମ୍ପିୟନଶିପ୍‌ର କ୍ୱାର୍ଟରଫାଇନାଲରେ ପ୍ରବେଶ କରିଛନ୍ତି। ଡିଭିଜନ 'ଏ'ରେ ମଧ୍ୟ ପ୍ରଦେଶ ୩-୨ରେ ହକି ପଞ୍ଜାବକୁ ପରାସ୍ତ କରିଛି। ବିଜୟୀ ଦଳ ତରଫରୁ ଅଧିନାୟକ ୟୁସୁଫ ଆଫାନ (୪ର୍ଥ ମିନିଟ) ପ୍ରଥମ ଗୋଲ୍ ସ୍କୋର କରିଥିବା ବେଳେ ମୋହିତ କର୍ମା (୧୮ତମ) ଓ ସଦାମ ଅହମଦ (୪୫ତମ) ପଛକୁ ପଛ ଗୋଟିଏ ଲେଖାଏଁ ଗୋଲ୍ ଦେଇଥିଲେ। ଫଳରେ ଏକଦା ମ୍ୟାଚ ଏକତରଫା ହେବ ବୋଲି ମନେ ହେଉଥିଲା। ମାତ୍ର ହକି ପଞ୍ଜାବ ଲଢୁଆ ପ୍ରଦର୍ଶନ ସହ ଅରାଇଜିତ ସିଂ ହୁଣ୍ଡାଲ (୫୪ତମ) ଓ ଗୁରସାହିବଜିତ୍ ସିଂ (୫୬ତମ)ଙ୍କ ଜରିଆରେ ଦୁଇଟି ଗୋଲ କରିବାରେ ସମର୍ଥ ହୋଇଥିଲା। ଏହି ସହ ମଧ୍ୟ ପ୍ରଦେଶ ବିଜୟ ସହ ପୂଲ୍ 'ଏ'ରେ ପ୍ରଥମ ସ୍ଥାନ ବଜାୟ ରଖି କ୍ୱାର୍ଟରଫାଇନାଲକୁ ଉନ୍ନୀତ ହୋଇ ପାରିଥିଲା। ଡିଭିଜନ 'ଏ'ର ଅନ୍ୟ ଏକ ମ୍ୟାଚରେ ହକି କର୍ନାଟକ ୩-୨ ଗୋଲ୍‌ରେ ପୁଡୁଚେରୀକୁ ହରାଇ ଦେଇଥିଲା। ଅଧିନାୟକ ମହମ୍ମଦ ରାହିଲ ୧୨ତମ ମିନିଟ୍‌ରେ ପ୍ରଥମ ଗୋଲ ସ୍କୋର କରିଥିଲେ। ପୁଡୁଚେରୀର ଟି. ଅରୁଣ କୁମାର (୨୭ତମ) ଓ ପି. ମହେନ୍ଦ୍ରନ (୩୭ତମ) ଗୋଲ୍ ସ୍କୋର କରି ମ୍ୟାଚକୁ ତାଙ୍କ ଦଳ ସପକ୍ଷକୁ ନେଇ ଆସିଥିଲେ। ମାତ୍ର ପରେ ଶିଶି ଗୌଡ଼ା (୫୮ତମ ଓ ୬୦ତମ) ଦୁଇଟି ଗୋଲ କରି କର୍ନାଟକକୁ ବିଜୟୀ କରାଇଥିଲେ।

## ସିଏସ୍‌କେର ନେତୃତ୍ୱକୁ ଫେରିଲେ ଧୋନୀ

**ଚେନ୍ନାଇ,୧୦।୪(ପି.ଟି.)**




ଚେନ୍ନାଇ ସୁପର କିଙ୍ଗ୍ସ (ସିଏସ୍‌କେ) ଦଳର ନିୟମିତ ଅଧିନାୟକ ଋତୁରାଜ ଗାଏକ୍ୱାଡ ଆହତ ସମସ୍ୟା ଯୋଗୁ ଚଳିତ ଆଇପିଏଲ୍‌ର ଅବଶିଷ୍ଟ ମ୍ୟାଚରୁ ବାଦ୍ ପଡ଼ିଛନ୍ତି। ତାଙ୍କ ଅନୁପସ୍ଥିତିରେ ମହେନ୍ଦ୍ର ସିଂ ଧୋନୀ ଦଳର ନେତୃତ୍ୱ ନେବେ। ତେବେ ଋତୁରାଜଙ୍କ ଏଲବୋ ଫ୍ରାକଚର ହୋଇଯାଇଥିବା ଜଣାପଡ଼ିଛି। ଶୁକ୍ରବାର ଖେଳାଯିବାକୁ ଥିବା କୋଲକାତା ନାଇଟ୍ ରାଇଡର୍ସ (କେକେଆର୍) ବିପକ୍ଷ

### ଗାଏକ୍ୱାଡ ଆହତ

ମ୍ୟାଚ ପୂର୍ବରୁ ଆୟୋଜିତ ଖବରଦାତା ସମ୍ମିଳନୀରେ ସିଏସ୍‌କେର ମୁଖ୍ୟ କୋଚ ଷ୍ଟିଫେନ ଫ୍ଲେମିଂ ଏହା କହିଛନ୍ତି।

ଗତ ୩୦ ତାରିଖରେ ରାଜସ୍ଥାନ ରୟାଲ୍ସ ବିପକ୍ଷ ମ୍ୟାଚରେ ତୁଷାର ଦେଶପାଣ୍ଡେଙ୍କ ଏକ ବଲ ୨୮ ବର୍ଷୀୟ ଗାଏକ୍ୱାଡଙ୍କ ଏଲବୋ ବାଜିଥିଲା। ଏହାପରେ ବି ସେ ଦୁଇଟି ମ୍ୟାଚରେ ଖେଳିଥିଲେ। କିନ୍ତୁ ସ୍କାନରୁ ଫ୍ରାକଚର ସ୍ପଷ୍ଟ ହୋଇଛି। ୫ ମ୍ୟାଚରେ ୪ ପରାଜୟ ସହ ପଏଣ୍ଟ ଟେବୁଲର ନବମ ସ୍ଥାନରେ ଥିବା ଦଳ ପାଇଁ ଏହି ଆହତ ସମସ୍ୟା ଏକ ଶକ୍ତ ଧକ୍କା ସଦୃଶ। ଗାଏକ୍ୱାଡ ଗତ ୪ରୁ ୩ ଆଇପିଏଲ୍ ସିଜନରେ ସିଏସ୍‌କେ ଲାଗି ସର୍ବାଧିକ ରନ କରିଥିଲେ। ଉଲ୍ଲେଖଯୋଗ୍ୟ ଯେ, ସିଏସ୍‌କେ ଆଇପିଏଲ୍‌ରେ ୨୬୮ ମ୍ୟାଚ ଖେଳିଥିବା ବେଳେ ଧୋନୀ ୨୩୫ ମ୍ୟାଚରେ ଦଳର ନେତୃତ୍ୱ ନେଇଛନ୍ତି। ତାଙ୍କ ନେତୃତ୍ୱରେ ସିଏସ୍‌କେ ୨୦୧୦, ୨୦୧୧, ୨୦୧୮, ୨୦୨୧ ଓ ୨୦୨୩ରେ ଆଇପିଏଲ୍ ସହ ଦୁଇଟି ଚାମ୍ପିୟନ୍ସ ଲିଗ୍ ଟି୨୦ ଟ୍ରଫି ଜିତିଥିଲା।

## ଅଷ୍ଟ୍ରେଲିଆ ଟୁର୍‌ରେ ଯିବ ମହିଳା ହକି ଦଳ

**ନୂଆଦିଲ୍ଲୀ, ୧୦।୪ (ପି.ଟି.):** ଭାରତୀୟ ମହିଳା ହକି ଦଳ ଅଷ୍ଟ୍ରେଲିଆ ଟୁର୍‌ରେ ଯିବ। ଦଳ ସେଠାରେ ଏପ୍ରିଲ ୨୬ରୁ ମେ ୪ ମଧ୍ୟରେ ୫ ମ୍ୟାଚ ବିଶିଷ୍ଟ ଏକ ସିରିଜ ଖେଳିବ। ଅଷ୍ଟ୍ରେଲିଆ 'ଏ' ବିପକ୍ଷରେ ଦୁଇଟି ମ୍ୟାଚ ଖେଳି ଭାରତ ଏହାର ଅଭିଯାନ ଆରମ୍ଭ କରିବ। ପରେ ସେମାନେ ଅଷ୍ଟ୍ରେଲିଆ ସିନିୟର ଦଳ ସହ ୩ଟି ମ୍ୟାଚ ଖେଳିବେ। ଟୁର୍ ବେଳେ ଅଷ୍ଟ୍ରେଲିଆ 'ଏ' ବିପକ୍ଷରେ ପଛକୁ ପଛ ମ୍ୟାଚ ଏପ୍ରିଲ ୨୬ ଓ ୨୭ରେ ଖେଳାଯିବ। ପରେ ବିଶ୍ୱ ୫ ନମ୍ବର ଦଳ ଅଷ୍ଟ୍ରେଲିଆ ସିନିୟର ଦଳ ସହିତ ତିନୋଟି ମ୍ୟାଚ ମେ ୧, ୩ ଓ ୪ରେ ଖେଳାଯିବ। ଏହି ସମସ୍ତ ମ୍ୟାଚ ପର୍ଥ ହକି ଷ୍ଟାଡିୟମରେ ଖେଳାଯିବ। ଆସନ୍ତା ଜୁନ୍‌ରେ ଏଫ୍‌ଆଇଏଚ୍ ପ୍ରୋ-ଲିଗ୍ ୨୦୨୪-୨୫ ଲାଗି ପ୍ରସ୍ତୁତି କ୍ଷେତ୍ରରେ ଏହି ଟୁର୍ ଗୁରୁତ୍ୱପୂର୍ଣ୍ଣ ବୋଲି ବିଚାର କରାଯାଉଛି। ନବମ ର୍‍ୟାଙ୍କିଂପ୍ରାପ୍ତ ଭାରତ ଏହି ସିରିଜ ପୂର୍ବରୁ ଭୁବନେଶ୍ୱରରେ ନେଦରଲାଣ୍ଡ୍ସ ବିପକ୍ଷ ମ୍ୟାଚ ୨-୨ ଡ୍ର ରଖିବା ସହ ରୋମାଞ୍ଚକ ଶୁଟ୍ ଆଉଟ୍‌ରେ ବୋନସ ପଏଣ୍ଟ ଅର୍ଜନ କରିଥିବାରୁ ଏହାର ମନୋବଳ ଉଚ୍ଚା ରହିଛି।

## ସଞ୍ଜୁ ସାମସନଙ୍କୁ ୨୪ଲକ୍ଷ ଜରିମାନା

**ଅହମଦାବାଦ, ୧୦।୪ (ପି.ଟି.)**



ଚଳିତ ଇଣ୍ଡିଆନ ପ୍ରିମିୟର ଲିଗ୍ (ଆଇପିଏଲ୍)ରେ ଏଠାରେ ଖେଳାଯାଇଥିବା ଗୁଜରାଟ ଟାଇଟନ୍ସ ବିପକ୍ଷ ମ୍ୟାଚରେ ଏକ ସ୍ଲୋ ଓଭର ରେଟ୍ ପାଇଁ ରାଜସ୍ଥାନ ରୟାଲ୍ସ ଅଧିନାୟକ ସଞ୍ଜୁ ସାମ୍‌ସନଙ୍କୁ ୨୪ ଲକ୍ଷ ଟଙ୍କା ଜରିମାନା କରାଯାଇଛି। ବୁଧବାର ନରେନ୍ଦ୍ର ମୋଦି ଷ୍ଟାଡିୟମରେ ଖେଳାଯାଇଥିବା ମ୍ୟାଚରେ ଗୁଜରାଟ ୨୧୮ରନର ଟାର୍ଗେଟ ଧାର୍ଯ୍ୟ କରିଥିଲା। ରୟାଲ୍ସ ଦଳ ୧୯.୨ ଓଭରରେ ୧୫୯ ରନ କରି ଅଲଆଉଟ ହୋଇଯାଇଥିଲା। ଗୁଜରାଟ ଏହି ମ୍ୟାଚ ୫୮ରନରେ ଜିତି ନେଇଥିଲା। ମ୍ୟାଚରେ ଧାର୍ଯ୍ୟ ସମୟ ମଧ୍ୟରେ ଗୋଟିଏ ଓଭର ପଛରେ ରହିଯାଇଥିବାରୁ ରାଜସ୍ଥାନ ରୟାଲ୍ସ ଅଧିନାୟକଙ୍କୁ ଜରିମାନା କରାଯାଇଥିବା ଆଇପିଏଲ୍ ପକ୍ଷରୁ ଜାରି ଏକ ବିବୃତିରେ କୁହାଯାଇଛି। ଆଇପିଏଲ ଆଚରଣ ସଂହିତାର ଧାରା ୨.୨୨ ଅଧୀନରେ ରାଜସ୍ଥାନ ଦଳର ସିଜନରେ ଏହା ହେଉଛି ଦ୍ୱିତୀୟ ଅପରାଧ; ଯେଉଁଥିରେ କି ସର୍ବନିମ୍ନ ଓଭରରେଟ୍ ଅପରାଧ ପାଇଁ ସାମସନଙ୍କୁ ୨୪ ଲକ୍ଷ ଟଙ୍କା ଜରିମାନା କରାଯାଇଛି। ଇମ୍ପାକ୍ଟ ଖେଳାଳିଙ୍କ ସମେତ ଦଳର ଅନ୍ୟ ଖେଳାଳିମାନଙ୍କୁ ୬ଲକ୍ଷ ଟଙ୍କା କିମ୍ବା ସେମାନଙ୍କ ମ୍ୟାଚ ଫି'ର ୨୫ ପ୍ରତିଶତ ଜରିମାନା ଦେବାକୁ ପଡ଼ିବ, ଯାହାର ପରିମାଣ କମ୍ ରହିବ। ଗୁଜରାଟ ଟାଇଟନ୍ସ ବର୍ତ୍ତମାନ ସୁଦ୍ଧା ଖେଳିସାରିଥିବା ୫ଟି ମ୍ୟାଚରେ ୪ ବିଜୟ ଓ ଗୋଟିଏ ପରାଜୟ ସହ ପଏଣ୍ଟ ଟେବୁଲର ଶୀର୍ଷ ସ୍ଥାନରେ ପହଞ୍ଚିପାରିଛି। ଅନ୍ୟପକ୍ଷରେ ରାଜସ୍ଥାନ ୫ଟି ଗେମ୍‌ରୁ ୨ ବିଜୟ ଓ ୩ ପରାଜୟ ସହ ଟେବୁଲର ୭ମ ସ୍ଥାନରେ ରହିଛି।

## ଜାତୀୟ ସିନିୟର ସଫ୍ଟବଲ୍ ପାଇଁ କିସ୍‌ରୁ ୪ ଖେଳାଳି


ଓଡ଼ିଶା ସଫ୍ଟବଲ୍ ଦଳରେ ସ୍ଥାନ ପାଇଥିବା କିସ୍‌ର ୪ ଖେଳାଳି।

**ଭୁବନେଶ୍ୱର, ୧୦।୪ (ବିଜୟ ରଣା)**

ଏପ୍ରିଲ ୧୨ରୁ ୧୫ ପର୍ଯ୍ୟନ୍ତ ଜମ୍ମୁ ଓ କଶ୍ମୀର ହେବାକୁଥିବା ଜାତୀୟ ସିନିୟର ସଫ୍ଟବଲ ଚାମ୍ପିୟନଶିପ୍-୨୦୨୫ରେ ଓଡ଼ିଶାରୁ ପ୍ରତିନିଧିତ୍ୱ କରିବା ଲାଗି କଳିଙ୍ଗ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ସୋସିଆଲ ସାଇନ୍ସ (କିସ୍)ରୁ ୪ଜଣ ମନୋନୀତ ହୋଇଛନ୍ତି। ଓଡ଼ିଶା ପୁରୁଷ ଦଳରେ କିସ୍‌ର ଅନୀଲ ମାର୍ଣ୍ଡିଙ୍କୁ ସ୍ଥାନ ମିଳିଥିବା ବେଳେ ଓଡ଼ିଶା ମହିଳା ଦଳରେ ଦ୍ରୁପତି ରେଖା ସୋରେନ, ପୂର୍ଣ୍ଣିମା ସୋରେନ ଓ ଲକ୍ଷ୍ମୀ ବୋଇପାଇ ପ୍ରତିନିଧିତ୍ୱ କରୁଛନ୍ତି। ଦଳ ସହିତ ସେମାନେ ଗୁରୁବାର ଜମ୍ମୁ କଶ୍ମୀର ଅଭିମୁଖେ ଯାତ୍ରା କରିଛନ୍ତି। ଏହି ଅବସରରେ କିଟ୍, କିସ୍ ଓ କିମ୍ସର ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଓ ଓଡ଼ିଶା ସଫ୍ଟ ବଲ୍ ଆସୋସିଏଶନର ସାଧାରଣ ସମ୍ପାଦକ ଦେବେନ୍ଦ୍ର ମୁକାର ସାହୁ ଖେଳାଳିମାନଙ୍କୁ ଅଭିନନ୍ଦନ ଜଣାଇବା ସହ ସେମାନଙ୍କର ଶୁଭକାମନା କରିଛନ୍ତି।

## ରାମେଶ୍ୱର କପ୍ ଜୁନିୟର କ୍ରିକେଟ

**ଭୁବନେଶ୍ୱର, ୧୦।୪ (ବିଜୟ ରଣା)**

ସ୍ଥାନୀୟ ରାମେଶ୍ୱର ସ୍ପୋର୍ଟିଂ କ୍ଲବ ଆନୁକୂଲ୍ୟରେ ଚାଲିଥିବା ସ୍ୱର୍ଗତ କମଳା ପରିଡ଼ା (୧୮ ବର୍ଷରୁ କମ୍) ଓ ଅମରେନ୍ଦ୍ର ପ୍ରସାଦ ବଳ (୧୫ ବର୍ଷରୁ କମ୍) ମେମୋରିଆଲ କ୍ରିକେଟରେ ଗୁରୁବାର ଖେଳାଯାଇଥିବା ମ୍ୟାଚରେ ପାରାମାଉଣ୍ଟ ସ୍ପୋର୍ଟିଂ ଓ ସହିଦ ସ୍ପୋର୍ଟିଂ କ୍ଲବ ସେମାନଙ୍କ ମ୍ୟାଚରେ ବିଜୟ ଲାଭ କରିଛନ୍ତି। ୧୮ ବର୍ଷରୁ କମ୍ ବିଭାଗରେ ପାରାମାଉଣ୍ଟ ସ୍ପୋର୍ଟିଂ ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିବାକୁ ଯାଇ ନିର୍ଦ୍ଧାରିତ ୩୦ ଓଭରରେ ୭ ଉଇକେଟ ବିନିମୟରେ ୧୯୫ ରନ କରିଥିଲା। ସ୍ୱାଗତ ମିଶ୍ର ୬୨(୫୦ ବଲ୍) ଏବଂ ଏସ୍.କେ ନାକ୍ୱିବ ୪୩ (୨୭) ରନ କରିଥିଲେ। ବିପକ୍ଷ ଆଲ୍‌ଫା ସ୍ପୋର୍ଟିଂ ବ୍ରହ୍ମପୁରର ଅଭିନିତ ପଟ୍ଟନାୟକ ଓ ବିଶାଳ ପ୍ରସାଦ ଦୁଇଟି ଲେଖାଏଁ ଉଇକେଟ ଅକ୍ତିଆର କରିଥିଲେ। ୧୯୬ ରନର ବିଜୟ ଲକ୍ଷ୍ୟ ନେଇ ବ୍ୟାଟିଂ କରିବାକୁ ଯାଇ ଆଲ୍‌ଫା ସ୍ପୋର୍ଟିଂ ୨୯.୫ ଓଭରରେ ୧୨୨ ରନ କରି ଅଲଆଉଟ ହୋଇଯାଇଥିଲା। ଟପ୍ ସ୍କୋରର ସମରପ୍ରୀତ ୧୯ ରନ କରିଥିଲେ। ବିଜୟୀ ଦଳର ପ୍ରଜ୍ଞା ପତ୍ରୀ ୪ ଉଇକେଟ ଓ ଦୁର୍ଗା ମଲିକ ୩ ଉଇକେଟ ନେଇଥିଲେ। ପାରାମାଉଣ୍ଟ ସ୍ପୋର୍ଟିଂ କ୍ଲବ ୭୨ ରନରେ ବିଜୟ ଲାଭ କରିଥିଲା। ପ୍ଲେୟର ଅଫ୍ ଦି ମ୍ୟାଚ ସ୍ୱାଗତ ମିଶ୍ର ପୂର୍ବତନ ରଣଜୀ ଫାଷ୍ଟ ବୋଲର ଆଲୋକ ମଙ୍ଗରାଜଙ୍କଠାରୁ ପୁରସ୍କାର ଗ୍ରହଣ କରିଥିଲେ।

ଅନ୍ୟପକ୍ଷରେ ୧୫ ବର୍ଷରୁ କମ୍ ବିଭାଗରେ ଏମ୍‌ସିସି ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିବାକୁ ଯାଇ ନିର୍ଦ୍ଧାରିତ ୨୦ ଓଭରରେ ୫ ଉଇକେଟ ବିନିମୟରେ ୧୨୪ ରନ କରିଥିଲା। ଅଂଶୁମାନ ଦାସ ୪୮ (୪୨) ବଲ୍) ଓ ଅନିମେଶ ପ୍ରଧାନ ୩୫ (୩୯) ରନ କରିଥିଲେ। ବିପକ୍ଷ ଦଳର ଋତୁରାଜ ମହାନ୍ତି ଓ ଶ୍ରେୟାଂଶ ପାଢୀ ୨ଟି ଲେଖାଏଁ ଉଇକେଟ ଅକ୍ତିଆର କରିଥିଲେ। ସହିଦ ସ୍ପୋର୍ଟିଂ ୧୯.୧ ଓଭରରେ ୯ ଉଇକେଟ ହରାଇ ୧୨୮ରନ କରିପାରିଥିଲା। ଦଳ ପକ୍ଷରୁ ଋତୁରାଜ ମହାନ୍ତି ୩୭ ଏବଂ ଓମ୍ ପ୍ରକାଶ ନାୟମ ୨୮ ରନ କରିଥିଲେ। ଆଦିତ୍ୟ ଦାସ ୪ ଉଇକେଟ ନେଇଥିବା ବେଳେ ଆୟୁଷ ପ୍ରଧାନ ୩ ଉଇକେଟ ସଫଳତା ପାଇଥିଲେ। ସହିଦ ସ୍ପୋର୍ଟିଂ ୧ ଉଇକେଟରେ ବିଜୟ ଲାଭ କରିଥିଲା। ପ୍ଲେୟର ଅଫ୍ ଦି ମ୍ୟାଚ ଋତୁରାଜ ମହାନ୍ତି ପୂର୍ବତନ ରଣଜୀ ଅଧିନାୟକ ରଶ୍ମୀରଞ୍ଜନ ପରିଡ଼ାଙ୍କଠାରୁ ପୁରସ୍କାର ଗ୍ରହଣ କରିଥିଲେ। ୧୫ବର୍ଷରୁ କମ୍ ଫାଇନାଲରେ ସହିଦ ସ୍ପୋର୍ଟିଂ ଓ ରାମେଶ୍ୱର ସ୍ପୋର୍ଟିଂ ପରସ୍ପରକୁ ଭେଟିବେ।



ଅତିଥିଙ୍କଠାରୁ ପୁରସ୍କାର ଗ୍ରହଣ କରୁଛନ୍ତି ପ୍ଲେୟର୍ ଅଫ୍ ଦି ମ୍ୟାଚ୍।

Printed and Published by Adyasha Satpathy on behalf of Navajat Printers & Media Pvt. Ltd.& Printed at Navajat Printers, B/4, Bareipali, Sambalpur, Editor - Tathagata Satpathy ସମ୍ପାଦକ-ତଥାଗତ ସତପଥୀ